ଧରିତ୍ରୀ 51 Years

# ଧରିତ୍ରୀ
DHARITRI

ଭୁବନେଶ୍ୱର, ଗୁରୁବାର, ଏପ୍ରିଲ ୩/୨୦୨୫ (୧୬ ପୃଷ୍ଠା) | Bhubaneswar, Thursday, April 3/2025 | Page 16 | ₹ 7.00

୫୧ଶ ଭାଗ ୧୨୮ ସଂଖ୍ୟା | www.orissakhabar.com/www.dharitri.com | Printed at Bhubaneswar, Sambalpur, Rayagada & Angul | VOLUME 51 ISSUE 128 | ମୂଲ୍ୟ₹୭/-


DSPL-11



ଶ୍ରୀ ନରେନ୍ଦ୍ର ମୋଦୀ
ପ୍ରଧାନମନ୍ତ୍ରୀ



ଶ୍ରୀ ମୋହନ ଚରଣ ମାଝୀ
ମୁଖ୍ୟମନ୍ତ୍ରୀ, ଓଡ଼ିଶା

# ରାଜ୍ୟବ୍ୟାପୀ ଓଡ଼ିଆ ପକ୍ଷ ପାଳନ ୨୦୨୫

## ପାରମ୍ପରିକ ପୋଷାକ ପରିଧାନ ଅଭିଯାନ

ଆମ ଉତ୍କଳୀୟ ପରମ୍ପରାର ପ୍ରତୀକ, ଆମ ସମୃଦ୍ଧ ହସ୍ତତନ୍ତ ବସ୍ତ୍ର ପରିଧାନ କରି ସ୍ୱାଭିମାନୀ ଓଡ଼ିଆ ଅସ୍ମିତାର ଅଂଶ ହୁଅନ୍ତୁ

୩ ଅପ୍ରେଲ ୨୦୨୫



## ଆମ ପୋଷାକ ଆମ ପରିଚୟ

ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ, ଓଡ଼ିଶା ସରକାର

OIPR-31047/13/0002/2425

# ଜଙ୍ଗଲ ଜମି ସଫାକୁ ବିରୋଧ

## ବିକ୍ଷୋଭକାରୀଙ୍କୁ ପୋଲିସର ଲାଠିଚାର୍ଜ

ହାଇଦ୍ରାବାଦ, ୨।୪

ବିଭିନ୍ନ ବିକାଶମୂଳକ ପ୍ରକଳ୍ପ ପାଇଁ ତେଲଙ୍ଗାନା ସରକାରଙ୍କ ପକ୍ଷରୁ ୟୁନିଭର୍ସିଟି ଅଫ୍‌ହାଇଦ୍ରାବାଦ(ୟୁଓଏଚ୍) ନିକଟସ୍ଥ କାଞ୍ଚା ଗଚିବୌଲି ଅଞ୍ଚଳରେ ଥିବା ୪୦୦ ଏକର ଜଙ୍ଗଲ ଜମି ସଫା କରାଯିବା ଘଟଣାକୁ ନେଇ ବିବାଦ ଦେଖାଦେଇଛି। କାଞ୍ଚା ଗଚିବ୍‌ୱୌଲିରେ ତେଲଙ୍ଗାନା ଶିଳ୍ପ ଭିତ୍ତିଭୂମି ନିଗମ (ଟିଜିଆଇଆଇସି) ମାଧ୍ୟମରେ ଏକ ଆଇଟି ପାର୍କ ନିର୍ମାଣ କରାଯିବା ସହ ସହରାଞ୍ଚଳ ଭିତ୍ତିଭୂମିକୁ ସୁଦୃଢ଼ କରାଯିବ ବୋଲି ରାଜ୍ୟ ସରକାର କହିଛନ୍ତି। ତେବେ ବିକାଶମୂଳକ ପ୍ରକଳ୍ପ ନାଁରେ ସବୁଜ ଆବରଣ ନଷ୍ଟ କରାଯିବା ଘଟଣାକୁ ବିରୋଧ କରି ୟୁଓଏଚ୍‌ର ଛାତ୍ରୀଛାତ୍ରମାନେ ସୋମବାରଠାରୁ ଅନିଶ୍ଚିତ କାଳ ପର୍ଯ୍ୟନ୍ତ କ୍ଲାସ ବୟକଟ



କାଞ୍ଚା ଗଚିବ୍‌ୱୌଲିସ୍ଥିତ ଜଙ୍ଗଲ ଜମି ସଫା କରାଯିବା ଘଟଣାକୁ ୟୁଓଏଚ୍‌ର ଛାତ୍ରୀଛାତ୍ରମାନେ ବିଭିନ୍ନ ପ୍ଲାକାର୍ଡ ଧରି ବିରୋଧ କରୁଛନ୍ତି।

କରିବା ସହ ଧାରଣାରେ ବସି ରହିଛନ୍ତି। ଧାରଣାର ନେତୃତ୍ୱ ନେଉଥିବା ୟୁଓଏଚ୍ ଛାତ୍ର ସଂସଦର ଉପ ସଭାପତି ଆକାଶ କୁମାର କହିଛନ୍ତି, କାଞ୍ଚା ଗଚିବ୍‌ୱୌଲି ହେଉଛି ଶତାଧିକ ଉଦ୍ଭିଦ ଏବଂ ପ୍ରାଣୀ ପ୍ରଜାତିର ବାସସ୍ଥଳ। ଯେପର୍ଯ୍ୟନ୍ତ କାଞ୍ଚା ଗଚିବ୍‌ୱୌଲି ଜଙ୍ଗଲ ଜମି ସଫା କାର୍ଯ୍ୟକୁ ବନ୍ଦ କରା ନ ଯିବ, ସେଯାଏଁ ବିଶ୍ୱବିଦ୍ୟାଳୟରେ ଛାତ୍ରୀଛାତ୍ରଙ୍କ ଆନ୍ଦୋଳନ ଜାରି ରହିବ ବୋଲି ଆକାଶ କହିଛନ୍ତି। ଗତ ୩୦ରେ କାଞ୍ଚା ଗଚିବ୍‌ୱୌଲିରେ ଥିବା ଜଙ୍ଗଲ ଜମିରେ ପୋଲିସ ମୁତୟନ ହେବା ସହ ଏବଂ ମାଟି ହଟାଇବାର ବିଭିନ୍ନ ଉପକରଣକୁ ଦେଖି କେତେକଣ ଛାତ୍ରୀଛାତ୍ର ଏବଂ ପରିବେଶ କାର୍ଯ୍ୟକର୍ତ୍ତା ବିରୋଧ କରିଥିଲେ। ସେମାନେ ଏହି ବିକାଶମୂଳକ ପ୍ରୋଜେକ୍ଟକୁ ବନ୍ଦ କରିବା ପାଇଁ ପ୍ରୟାସ କରିଥିଲେ। ଫଳରେ ସେଠାରେ ଅଧିକାରୀଙ୍କ ସହ ଛାତ୍ରୀଛାତ୍ର ଏବଂ ପରିବେଶ କର୍ମୀଙ୍କ ମଧ୍ୟରେ ହାତାହାତି ସ୍ଥିତି ସୃଷ୍ଟି ହୋଇଥିଲା। ଘଟଣାକୁ ନେଇ ପୋଲିସ ୨ ଜଣଙ୍କୁ ଗିରଫ କରିଥିବା ସହ ୫୦ ଜଣ ଛାତ୍ରୀଛାତ୍ରଙ୍କୁ ଅଟକ ରଖି କିଛି ସମୟ ପରେ ଛାଡ଼ି ଦେଇଥିଲା। ବିଭିନ୍ନ ଛାତ୍ର ସଙ୍ଗଠନ ଓ ପରିବେଶ କର୍ମୀଙ୍କ ଅନୁଯାୟୀ, କାଞ୍ଚା ଗଚିବ୍‌ୱୌଲିରେ ଜଙ୍ଗଲ ଜମିକୁ ସଫା କରିବା, ପରିବେଶ ଉପରେ ଗମ୍ଭୀର ପ୍ରଭାବ ପକାଇବ। ସ୍ଥାନୀୟ ଜଳବାୟୁ ଗବେଷକ ଅରୁଣ ଭାଷିରେଡ୍ଡୀ କହିଛନ୍ତି, କାଞ୍ଚା ଗଚିବ୍‌ୱୌଲିରେ ସବୁଜ ଆବରଣକୁ ନଷ୍ଟ କରାଯିବା ଦ୍ୱାରା ସ୍ଥାନୀୟ ତାପମାତ୍ରା ୧ରୁ ୪ ଡିଗ୍ରୀ ସେଲସିୟସ ପର୍ଯ୍ୟନ୍ତ ବୃଦ୍ଧି ପାଇପାରେ। ୟୁଓଏଚ୍ ଓ ଏହାର ଆଖପାଖ ଅଞ୍ଚଳରେ ପରିବେଶଗତ ସନ୍ତୁଳନ ନଷ୍ଟ ହେବ ବୋଲି ସେ କହିଛନ୍ତି। ତେବେ କାଞ୍ଚା ଗଚିବ୍‌ୱୌଲିରେ ଜଙ୍ଗଲ ଜମିର ମାଲିକାନା ରାଜ୍ୟ ସରକାରଙ୍କ ପାଖରେ ରହିଛି। ତେଣୁ ବିକାଶମୂଳକ ପ୍ରକଳ୍ପ ମାଧ୍ୟମରେ ଏହି ଅଞ୍ଚଳକୁ ବିଶ୍ୱସ୍ତରୀୟ ଭିତ୍ତିଭୂମିରେ ପରିପୂର୍ଣ୍ଣ କରାଯିବ ବୋଲି ରାଜ୍ୟ ସରକାରଙ୍କ ପକ୍ଷରୁ କୁହାଯାଇଛି। ୟୁଓଏଚ୍ ନିକଟରେ ଆଇଟି ପାର୍କ ନିର୍ମାଣ କରାଯିବା ସହ ଉକ୍ତ ଅଞ୍ଚଳରେ ସହରାଞ୍ଚଳ ସଂଯୋଗୀକରଣକୁ ମଜଭୁତ କରାଯିବ ବୋଲି ତେଲଙ୍ଗାନା ସରକାର କହିଛନ୍ତି। ବୁଧବାର ଏହି ପ୍ରୋଜେକ୍ଟ ବିରୋଧରେ ୟୁଓଏଚ୍‌ର ଛାତ୍ରୀଛାତ୍ରମାନେ ଏକ ରାଲି ବାହାର କରିଥିଲେ। ଏହି ଅବସରରେ ଏକଜୁଟତା ଦେଖାଇବା ପାଇଁ ୟୁଓଏଚ୍‌ର ଶିକ୍ଷକ ସଂଘ ମଧ୍ୟ ଛାତ୍ରୀଛାତ୍ରଙ୍କ ସହ ଯୋଗଦେଇଥିଲେ। ବିଶ୍ୱବିଦ୍ୟାଳୟର ଆମ୍ବେଦକର ଅଡିଟୋରିଅମରୁ ପୂର୍ବ କ୍ୟାମ୍ପସ ପର୍ଯ୍ୟନ୍ତ ପ୍ରଦର୍ଶନକାରୀଙ୍କ ଏକ ରାଲି ବାହାରିଥିଲା। ସେଥିପାଇଁ ପୂର୍ବ କ୍ୟାମ୍ପସରେ ବ୍ୟାରିକେଡ୍ ଲଗାଯିବା ସହ ବହୁ ସଂଖ୍ୟାରେ ପୋଲିସ ମୁତୟନ ହୋଇଥିଲା। ପୋଲିସ ପ୍ରଦର୍ଶନକାରୀଙ୍କୁ ଅଟକାଇ ଲାଠିଚାର୍ଜ କରିଥିଲା।


ବିବାଦୀୟ ୪୦୦ ଏକରର ଜଙ୍ଗଲ ଜମି।

## ୪୦୦ ଏକର ଜଙ୍ଗଲ ଜମି ସଫା ଉପରେ ରୋକ

### ତେଲଙ୍ଗାନା ସରକାରଙ୍କୁ ହାଇକୋର୍ଟଙ୍କ ଝଟକା

ତେଲଙ୍ଗାନାର ରଙ୍ଗାରେଡ୍ଡୀ ଜିଲା କାଞ୍ଚା ଗଚିବ୍‌ୱୌଲିରେ ଜଙ୍ଗଲ ଜମି ସଫା କରାଯିବା ପ୍ରକ୍ରିୟା ଉପରେ ଗୁରୁବାର ପର୍ଯ୍ୟନ୍ତ ଦିନକ ପାଇଁ ରୋକ ଲଗାଇବାକୁ ବୁଧବାର ତେଲଙ୍ଗାନା ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଜଙ୍ଗଲ ଜମି ସଫା କରାଯିବା ବିରୋଧରେ ୟୁନିଭର୍ସିଟି ଅଫ୍ ହାଇଦ୍ରାବାଦର ଛାତ୍ରୀଛାତ୍ରଙ୍କ ଦ୍ୱାରା ଦାଖଲ ହୋଇଥିବା ଏକ ପିଟିସନର ଶୁଣାଣି କରି କାର୍ଯ୍ୟକାରୀ ମୁଖ୍ୟ ବିଚାରପତି ସୁଜୟ ପାଲ ଏବଂ ଜଷ୍ଟିସ ରେଣୁକା ୟାରାଙ୍କୁ ନେଇ ଗଠିତ ଡିଭିଜନ ଖଣ୍ଡପୀଠ ଜଙ୍ଗଲ ଜମି ସଫା କାର୍ଯ୍ୟକଳାପକୁ ଅସ୍ଥାୟୀ ଭାବରେ ବନ୍ଦ କରିବାକୁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଅନ୍ୟପକ୍ଷରେ, କାଞ୍ଚା ଗଚିବ୍‌ୱୌଲିର ୪୦୦ ଏକର ଜଙ୍ଗଲରେ ଗଛ କଟାଯିବାକୁ ନେଇ ଆଇନଗତ କାର୍ଯ୍ୟାନୁଷ୍ଠାନ ନେବାକୁ ବୁଧବାର କେନ୍ଦ୍ର ସରକାର ତେଲଙ୍ଗାନା ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ପରିବେଶଗତ ଆଇନ ଏବଂ କୋର୍ଟଙ୍କ ନିର୍ଦ୍ଦେଶ ପାଳନ କରାଯାଉ ବୋଲି ଆସିଷ୍ଟାଣ୍ଟ ଇନ୍‌ସ୍ପେକ୍ଟର ଜେନେରାଲ ଅଫ ଫରେଷ୍ଟ ଏସ୍.ସୁନ୍ଦରଙ୍କ ପକ୍ଷରୁ ତେଲଙ୍ଗାନା ସରକାରଙ୍କୁ ଏକ ଚିଠି ଜାରି କରାଯାଇ ନିର୍ଦ୍ଦେଶ ଦିଆଯାଇଛି।

## ଓ୍ୱାକ୍‌ଫ ବିତର୍କ: କିଏ କ'ଣ କହିଲେ


ଓ୍ୱାକ୍‌ଫ ବିଲ୍ ବିତର୍କରେ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ୍ ଶାହା ଭାଗ ନେଉଛନ୍ତି।

"ସଂଖ୍ୟାଲଘୁମାନଙ୍କୁ ଭୟଭୀତ କରାଇ, ଓ୍ୱାକ୍‌ଫ ବିଲ୍ ନାମରେ ଦ୍ୱନ୍ଦ୍ୱ ସୃଷ୍ଟି କରି ଦେଶରେ ଭୋଟ ବ୍ୟାଙ୍କ ଗଢ଼ାଯାଉଛି। ଓ୍ୱାକ୍‌ଫ କାଉନସିଲ ଓ ବୋର୍ଡଗୁଡ଼ିକରେ ଅଣମୁସଲିମମାନଙ୍କୁ ସାମିଲ କରାଯିବାର ତାତ୍ପର୍ଯ୍ୟ ହେଉଛି ଏହାର ସମ୍ପତ୍ତିର ଉପଯୁକ୍ତ ପରିଚାଳନାକୁ ସୁନିଶ୍ଚିତ କରିବା। ୨୦୧୩ ଓ ୨୦୧୪ରେ ନିର୍ବାଚନ ହେବାକୁ ଥିବାବେଳେ ଏହାକୁ ଦୃଷ୍ଟିରେ ରଖି ତୁଷ୍ଟୀକରଣ ଉଦ୍ଦେଶ୍ୟରେ ରାତାରାତି ଓ୍ୱାକ୍‌ଫ ଆଇନକୁ ବଦଳାଇ ଦିଆଯାଇଥିଲା। ୨୦୧୩ରେ ଓ୍ୱାକ୍‌ଫ ଆଇନରେ ସଂଶୋଧନ କରାଯାଇ ନ ଥିଲେ ବର୍ତ୍ତମାନ ଏହି ନୂଆ ବିଧେୟକ ଆଣିବା ଆବଶ୍ୟକ ହୋଇ ନ ଥାଆନ୍ତା।

–ଅମିତ ଶାହା, ସ୍ୱରାଷ୍ଟ୍ର ମନ୍ତ୍ରୀ

"ଓ୍ୱାକ୍‌ଫ (ସଂଶୋଧନ) ବିଲ୍ ମୁସଲିମମାନଙ୍କୁ ବଞ୍ଚିତ କରିବା ଏବଂ ସେମାନଙ୍କ ବ୍ୟକ୍ତିଗତ ଆଇନ ଓ ସମ୍ପତ୍ତି ଅଧିକାରକୁ ହଡ଼ପ କରିବା ଉଦ୍ଦେଶ୍ୟରେ ଏକ ଅସ୍ତ୍ର। ଆଜି ମୁସଲମାନମାନଙ୍କୁ ଲକ୍ଷ୍ୟ କରି ସମ୍ବିଧାନ ଉପରେ ଆର୍‌ଏସ୍‌ଏସ୍, ଭାଜପା ଏବଂ ସହଯୋଗୀ ଆକ୍ରମଣ କରୁଛନ୍ତି କିନ୍ତୁ ଏହା ଭବିଷ୍ୟତରେ ଅନ୍ୟ ସମ୍ପ୍ରଦାୟଗୁଡ଼ିକୁ ଟାର୍ଗେଟ ପାଇଁ ଏକ ପରମ୍ପରା ସୃଷ୍ଟି କରୁଛି। ଏହି ବିଧେୟକ ଭାରତର ପ୍ରତ୍ୟେକ ବିଚାରଧାରା ପ୍ରତି ଆକ୍ରମଣ ଏବଂ ସମ୍ବିଧାନର ଅନୁଚ୍ଛେଦ ୨୫ (ଧର୍ମୀୟ ସ୍ୱାଧୀନତା ଅଧିକାର) କୁ ଉଲ୍ଲଂଘନ କରୁଥିବାରୁ କଂଗ୍ରେସ ପାର୍ଟି ଏହାକୁ ଦୃଢ଼ ବିରୋଧ କରୁଛି।

–ରାହୁଲ ଗାନ୍ଧୀ, ଲୋକ ସଭାରେ ବିରୋଧୀ ଦଳ ନେତା

"କେନ୍ଦ୍ର ସରକାର ଆଇନ ପ୍ରଣୟନ ବେଳେ ରାଜ୍ୟଗୁଡ଼ିକୁ ଓ୍ୱାକ୍‌ଫ ବୋର୍ଡ ଗଠନର ସୁଯୋଗ ଦେବା ପାଇଁ ବିଚାର କରନ୍ତୁ। ଏହାଦ୍ୱାରା ସମ୍ପୃକ୍ତ ରାଜ୍ୟଗୁଡ଼ିକର ମୁସଲିମ ମହିଳା, ଯୁବ ଓ ବଞ୍ଚିତ ବର୍ଗର ସ୍ୱାର୍ଥରକ୍ଷା ହୋଇପାରିବ।

–କ୍ରିଷ୍ଣା ପ୍ରସାଦ ତେନେଟି, ତେଲୁଗୁ ଦେଶମ୍ ପାର୍ଟି ଏମ୍‌ପି

"ବିରୋଧୀ ଦଳଗୁଡ଼ିକ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କୁ ମୁସଲମାନ ବିରୋଧୀ ରୂପେ ଦର୍ଶାଇବା ପାଇଁ ଏକ ନ୍ୟାରେଟିଭ୍ ପ୍ରସ୍ତୁତ କରୁଛନ୍ତି। ଏହି ବିଲରେ ପ୍ରସ୍ତାବିତ ସଂଶୋଧନ ପସ୍‌ମନ୍ଦା (ପଛୁଆ ବର୍ଗ ମୁସଲମାନ) ଏବଂ ସଂଖ୍ୟାଲଘୁ ଗରିବ, ମହିଳାଙ୍କୁ ସଶକ୍ତ କରିବା ସହ ଏଥିରେ ସ୍ୱଚ୍ଛତା ଆଣିବ।

–ରାଜୀବ ରଞ୍ଜନ (ଲଲନ) ସିଂ, କେନ୍ଦ୍ରମନ୍ତ୍ରୀ ତଥା ଜେଡିୟୁ ନେତା

## ଗୃହରେ ଓ୍ୱାକ୍‌ଫ ବିଲ୍ କପି ଚିରିଲେ ଓ୍ୱାଇସି

ଲୋକ ସଭାରେ ଓ୍ୱାକ୍‌ଫ ବିଲ୍ ଉପରେ ବିତର୍କ ଚାଲିଥିବାବେଳେ ଏଆଇଏମ୍‌ଆଇଏମ୍ ଅଧ୍ୟକ୍ଷ ତଥା ହାଇଦ୍ରାବାଦ୍ ଏମ୍‌ପି ଅସାଦୁଦ୍ଦିନ୍ ଓ୍ୱାଇସି ଓ୍ୱାକ୍‌ଫ ବିଲ୍ କପି ଚିରିଦେଇଥିଲେ। ଓ୍ୱାଇସି କହିଥିଲେ, ମହାତ୍ମା ଗାନ୍ଧୀ ଦକ୍ଷିଣ ଆଫ୍ରିକାରେ ଥିବାବେଳେ ଯେମିତି ଗୋରାଙ୍କ ଶ୍ୱେତାଙ୍ଗଙ୍କ ଆଇନର କପି ଚିରିଥିଲେ, ଠିକ୍ ସେମିତି ସେ ପ୍ରତୀକାତ୍ମକ ଭାବେ ବିକ୍ଷୋଭ ପ୍ରଦର୍ଶନ ପୂର୍ବକ ଓ୍ୱାକ୍‌ଫ ବିଲ୍ କପିକୁ ଚିରିଛନ୍ତି। କାରଣ ଏହା ଏକ ଅସାମ୍ବିଧାନିକ ବିଧେୟକ। ଭାଜପା ମନ୍ଦିର ମସଜିଦ ନାମରେ ଦେଶକୁ ବିଭାଜନ କରିବାକୁ ଉଦ୍ୟମ ଚଲାଇଥିବାରୁ ସେ ଏହାକୁ ନିନ୍ଦା କରିବା ସହ ବିଲରେ ୧୦ଟି ସଂଶୋଧନ ଆଣିବାକୁ ପ୍ରସ୍ତାବ ଦେଇଥିଲେ।


ଅସାଦୁଦ୍ଦିନ୍ ଓ୍ୱାଇସି

## ପୁନମ ଗୁପ୍ତା ଆରବିଆଇର ନୂତନ ଡେପୁଟି ଗଭର୍ନର

ନୂଆଦିଲ୍ଲୀ, ୨।୪



କେନ୍ଦ୍ର ସରକାର ବୁଧବାର ପୁନମ ଗୁପ୍ତାଙ୍କୁ ୩ ବର୍ଷ ପାଇଁ ଭାରତୀୟ ରିଜର୍ଭ ବ୍ୟାଙ୍କ (ଆରବିଆଇ)ର ଡେପୁଟି ଗଭର୍ନର ଭାବେ ନିଯୁକ୍ତି ଦେଇଛନ୍ତି। ପୁନମ ବର୍ତ୍ତମାନ ଇକୋନୋମିକ ପଲିସି ଥିଙ୍କ ଟାଙ୍କ 'ନ୍ୟାଶନାଲ କାଉନସିଲ ଅଫ୍ ଆପ୍ଲାଏଡ୍ ଇକୋନୋମିକ୍ସ ରିସର୍ଚ୍ଚ (ଏନ୍‌ସିଏଇଆର୍)'ର ମହାନିର୍ଦ୍ଦେଶକ ଭାବେ କାର୍ଯ୍ୟ କରୁଛନ୍ତି। ଏହାସହ ପୁନମ ପ୍ରଧାନମନ୍ତ୍ରୀଙ୍କ ଅର୍ଥନୈତିକ ପରାମର୍ଶଦାତା ପରିଷଦର ସଦସ୍ୟ ଅଛନ୍ତି ଓ ସେ ୧୬ଶ ଅର୍ଥ ଆୟୋଗ ପାଇଁ ପରାମର୍ଶ ପରିଷଦର ସଂଯୋଜକ ଭାବେ ମଧ୍ୟ କାର୍ଯ୍ୟ କରୁଛନ୍ତି। ସେ ୨୦୨୧ରେ ଏନ୍‌ସିଏଇଆର୍‌ରେ ଯୋଗ ଦେଇଥିଲେ। ପୁନମ ଏହାପୂର୍ବରୁ ୨ ଦଶନ୍ଧି ଧରି ଆଇଏମ୍‌ଏଫ୍ ଏବଂ ଓ୍ୱାର୍ଲ୍ଡ ବ୍ୟାଙ୍କ ପାଇଁ ଓ୍ୱାଶିଂଟନରେ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ପଦରେ କାର୍ଯ୍ୟ କରିଥିଲେ।

## ଅଭିନେତା ଭାଲ୍ କିଲ୍‌ମରଙ୍କ ପରଲୋକ

ଲସ୍‌ଏଞ୍ଜେଲ୍ସ, ୨।୪

ହଲିଉଡ୍‌ର ଭେଟେରାନ ଅଭିନେତା ଭାଲ୍ କିଲ୍‌ମରଙ୍କ ପରଲୋକ ହୋଇଯାଇଛି। ୬୫ ବର୍ଷ ବୟସରେ ଲସ୍‌ଏଞ୍ଜେଲ୍ସରେ ସେ ଶେଷ ନିଃଶ୍ୱାସ ତ୍ୟାଗ କରିଛନ୍ତି। ଭାଲ୍ ଗତ କିଛିଦିନ ଧରି ନିମୋନିଆରେ ପୀଡ଼ିତ ଥିଲେ। ୧୯୯୧ରେ ରିଲିଜ ହୋଇଥିବା 'ଦି ଡୋର୍ସ' ଫିଲ୍ମରେ ଜିମ୍ ମୋରିସନ ଚରିତ୍ର ତାଙ୍କୁ ପ୍ରସିଦ୍ଧି ଦେଇଥିଲା। 'ବ୍ୟାଟମ୍ୟାନ ଫରଏଭର' ଫିଲ୍ମରେ ବ୍ରୁସ୍‌ବେନ୍ ଏବଂ ବ୍ୟାଟ୍‌ମ୍ୟାନଙ୍କ ଚରିତ୍ର ତାଙ୍କୁ ଲୋକପ୍ରିୟ କରାଇଥିଲା। ସେହିପରି 'ଟପ୍‌ଗନ' ଫିଲ୍ମରେ ଖଳନାୟକ ଆଇସମ୍ୟାନଙ୍କ ଚରିତ୍ର କରି ଭାଲ୍ ବହୁ ପ୍ରଶଂସା ସାଉଣ୍ଟିଥିଲେ।

## ମାଇନ୍ ବିସ୍ଫୋରଣ ପରେ ପାକିସ୍ତାନୀ ସେନାର ଅସ୍ତ୍ରବିରତି ଉଲ୍ଲଂଘନ

ଜମ୍ମୁ,୨।୪(ପିଟିଆଇ)

ଜମ୍ମୁ-କଶ୍ମୀରର ପୁଞ୍ଚ ଜିଲା ନିୟନ୍ତ୍ରଣରେଖା (ଏଲ୍‌ଓସି) ସଂଲଗ୍ନ ଅଞ୍ଚଳରେ ଏକ ମାଇନ୍ ବିସ୍ଫୋରଣ ପରେ ପାକିସ୍ତାନୀ ସେନା ଅସ୍ତ୍ରବିରତି ଉଲ୍ଲଂଘନ କରିଛି। ଭାରତୀୟ ସେନା ପ୍ରଭାବଶାଳୀ ଢଙ୍ଗରେ ଏହାର ଜବାବ ଦେଇଥିବା ବୁଧବାର ଜଣେ ପ୍ରତିରକ୍ଷା ଅଧିକାରୀ ସୂଚନା ଦେଇଛନ୍ତି। ସୂତ୍ରରୁ ଜଣାପଡ଼ିଛି ଯେ, ସୋମବାର କ୍ରିଷ୍ଣାଘାଟି ସେକ୍ଟରରେ ପାକିସ୍ତାନୀ ସେନା ପାଟ୍ରୋଲିଂ କରୁଥିବାବେଳେ ଏକ ମାଇନ୍ ବିସ୍ଫୋରଣ ହୋଇଥିଲା। ଏହା ପରେ ମଙ୍ଗଳବାର ଅପରାହ୍ନ ୧ଟା ୧୦ରେ ପାକିସ୍ତାନୀ ସୈନ୍ୟ ଏଲ୍‌ଓସି ଅତିକ୍ରମ କରି ଯବାନମାନଙ୍କୁ ଟାର୍ଗେଟ କରି ଅଖିଆକୁ ଗୁଳି ଚଳାଇଥିଲେ। ତେବେ ଏହି ଅସ୍ତ୍ରବିରତି ଉଲ୍ଲଂଘନ ଯୋଗୁ ଭାରତୀୟ ସୁରକ୍ଷା ବଳର କେହି ମୃତାହତ ହୋଇ ନାହାନ୍ତି। ଅନ୍ୟପକ୍ଷେ ମାଇନ୍ ବିସ୍ଫୋରଣ ଏବଂ ଯବାନଙ୍କ ଗୁଳିମାଡ଼ରେ ୫ ପାକିସ୍ତାନୀ ସୈନ୍ୟ ଆହତ ହୋଇଥିବା ଜଣାପଡ଼ିଛି। ଉଲ୍ଲେଖଯୋଗ୍ୟ, ୨୦୨୧ ଫେବୃଆରୀ ୨୫ରେ ଭାରତ ଓ ପାକିସ୍ତାନ ଦ୍ୱୟଦେଶର ସୀମାରେ ଅସ୍ତ୍ରବିରତି ପାଇଁ ପୁଣଃ ଚୁକ୍ତିବଦ୍ଧ ହୋଇଥିଲେ। ଏହା ସତ୍ତ୍ୱେ ଗତ ଫେବୃଆରୀରେ ପୁଞ୍ଚ-ରାଜୌରି ସେକ୍ଟରରେ ପାକିସ୍ତାନ ଅନେକ ଥର ଅସ୍ତ୍ରବିରତି ଉଲ୍ଲଂଘନ କରିଥିବା ଅଭିଯୋଗ ହୋଇଥିଲା। ଫେବୃଆରୀ ୧୧ରେ ପାକିସ୍ତାନୀ ଆତଙ୍କବାଦୀଙ୍କ ଗୁଳିମାଡ଼ରେ ୨ ଭାରତୀୟ ଯବାନ ଶହୀଦ ହୋଇଥିଲେ।

### ପୁରୁଷ ବନ୍ଧୁ ବିବାହ ପ୍ରତିଶ୍ରୁତି ଦେଇ ଶାରୀରିକ ସମ୍ପର୍କ ରଖିଥିଲେ...

## ଯୁବତୀଙ୍କୁ ପୀଡ଼ିତା ମନେକରିବା ଭୁଲ୍

ନୂଆଦିଲ୍ଲୀ,୨।୪



ଶାରୀରିକ ସମ୍ପର୍କ ସ୍ଥାପନ ପରେ ଯୋଡ଼ିଙ୍କ ମଧ୍ୟରେ ବ୍ରେକ୍‌ଅପ୍ ହୋଇଗଲେ ମହିଳାମାନେ ବଳାତ୍କାର ଅଭିଯୋଗ ଆଣୁଥିବା ଧାରାକୁ ଦେଖି ବୁଧବାର ସୁପ୍ରିମକୋର୍ଟ ଚିନ୍ତାବ୍ୟକ୍ତ କରିଛନ୍ତି। ନିଜ ବିରୋଧରେ ବଳାତ୍କାର ମାମଲା ଖାରଜ ସକାଶେ ଜଣେ ପୁରୁଷଙ୍କ ପକ୍ଷରୁ ଦାଖଲ ଆବେଦନର ଶୁଣାଣି କରି ଜଷ୍ଟିସ୍ ଏମ୍.ଏମ୍. ସୁନ୍ଦରେଶ ଏବଂ ରାଜେଶ ବିନ୍ଦାଲଙ୍କ ଖଣ୍ଡପୀଠ କହିଛନ୍ତି, ରୋମାନ୍ସ ବିଫଳ ହୋଇଗଲେ କିମ୍ବା ଯୋଡ଼ି ଭାଙ୍ଗିଗଲେ ମହିଳାମାନେ ବଳାତ୍କାର ଅଭିଯୋଗ ଆଣିବା ଦୁର୍ଭାଗ୍ୟଜନକ। ବିଶେଷକରି ସମାଜରେ ପରିବର୍ତ୍ତନଶୀଳ ନୈତିକ ମୂଲ୍ୟବୋଧ ଦୃଷ୍ଟିକୋଣରୁ ବ୍ରେକ୍‌ଅପ୍ ପରେ ବିବାହର ମିଥ୍ୟା ପ୍ରତିଶ୍ରୁତି ଦ୍ୱାହି ଦେଇ ଏପରି ଅଭିଯୋଗ ଅଣାଯିବା ଅନୁଚିତ। ଆଲୋଚ୍ୟ ମାମଲାରେ ମହିଳା ଜଣକ ନିଜ ପିଟିଶନରେ ତାଙ୍କ ପୂର୍ବତନ ପୁରୁଷ ବନ୍ଧୁଙ୍କ ବିରୋଧରେ ବିବାହର ମିଥ୍ୟା ପ୍ରତିଶ୍ରୁତି ଦେଇ ବଳାତ୍କାର କରିଥିବା ଅଭିଯୋଗ ଆଣିଥିଲେ। ଏହାକୁ ତାଙ୍କ ପୁରୁଷ ବନ୍ଧୁ ସୁପ୍ରିମକୋର୍ଟରେ ଚ୍ୟାଲେଞ୍ଜ କରିଥିଲେ। ଶୀର୍ଷ ଅଦାଲତ ଏହା ଉପରେ ଆହୁରି କହିଛନ୍ତି, ଅଧିକାଂଶ ସମୟରେ ଏକ ରୁଢ଼ିବାଦୀ ମାନସିକତାର ପରିଣାମରୁ ଏଭଳି ଅଭିଯୋଗ ଆସିଥାଏ। ଆମ ବ୍ୟବସ୍ଥାରେ ଅଭାବ ଥିବାରୁ ମହିଳାମାନେ ପୁରୁଷଙ୍କୁ ଦୋଷ ଦେଉଥିନ୍ତି। ସମ୍ପୃକ୍ତ ମହିଳା ତାଙ୍କ ଶ୍ୱଶୁର ଘର ଲୋକଙ୍କ ବିରୋଧରେ ୫ଟି ମାମଲା ଦାଏର କରିଛନ୍ତି। ମହିଳା ଜଣକ ଯଦି ଏତେ ନରିହ ତେବେ ସେ ସୁପ୍ରିମକୋର୍ଟକୁ ଆସି ନ ଥାଆନ୍ତେ। ସେ ଜଣେ ସାବାଳିକା। ତେଣୁ ବିବାହର ମିଥ୍ୟା ପ୍ରତିଶ୍ରୁତି ଯୋଗୁ ଶାରୀରିକ ସମ୍ପର୍କ ସ୍ଥାପନ କରିଥିଲେ ବୋଲି କହିବା ଅନୁଚିତ। ଏଠି ମହିଳାଙ୍କ ଯୁକ୍ତିକୁ ସତ ବୋଲି ଧରିନେଲେ ବି କଲେଜରେ ଥିଏ ଓ ପୁଅଙ୍କ ମଧ୍ୟରେ ଯେକୌଣସି ସମ୍ପର୍କ ଦଣ୍ଡନୀୟ ହୋଇପାରିବ।

DSPL-12



ଆମ ପୋଷାକ ଆମ ପରିଚୟ

ବାର୍ତ୍ତା

ଆମ ବସ୍ତ୍ର ହେଉଛି ଆମ ସ୍ୱାଭିମାନ ଓ ଆମ ପରିଚୟ । ଓଡ଼ିଶା ହସ୍ତତନ୍ତର ସମଗ୍ର ବିଶ୍ୱରେ ପ୍ରସିଦ୍ଧି ରହିଛି । ଆମ ସମ୍ବଲପୁରୀ, ସୋନପୁରୀ, ବୋମକାଇ, ମାଣିଆବନ୍ଧ, କୋଟପାଡ ହସ୍ତତନ୍ତ ପୋଷାକ ଏବଂ ଶାଢ଼ୀ ସହିତ ଖୋର୍ଦ୍ଧା ଲୁଙ୍ଗି ଓ ଗାମୁଛା ଇତ୍ୟାଦି ରାଜ୍ୟ ତଥା ରାଜ୍ୟ ବାହାରେ ଆଦୃତି ଲାଭ କରିଛି ।

ପ୍ରତ୍ୟେକ ହସ୍ତତନ୍ତ ବସ୍ତ୍ର ସହିତ ଏହାର ଐତିହ୍ୟ ଓ ଅଞ୍ଚଳର କାହାଣୀ ଜଡ଼ିତ ହୋଇ ରହିଛି । ହସ୍ତତନ୍ତ ମାଧ୍ୟମରେ ଆମ ବୁଣାକାର ମାନଙ୍କ ସୃଜନାତ୍ମକ କୌଶଳ ପିଢ଼ି ପରେ ପିଢ଼ି ପ୍ରସାରିତ ହୋଇ ଆସୁଛି । ହସ୍ତତନ୍ତ ବସ୍ତ୍ର ପରିଧାନ ଦ୍ୱାରା ଆମ ଅର୍ଥନୀତି ମଧ୍ୟ ସମୃଦ୍ଧ ହୋଇଥାଏ ।

ଓଡ଼ିଆ ପକ୍ଷ ପାଳନ ଅବସରରେ ଆସନ୍ତୁ, ଆମେ ହସ୍ତତନ୍ତ ପୋଷାକ ପିନ୍ଧିବାକୁ ଅଭ୍ୟାସରେ ପରିଣତ କରିବା । କେବଳ ଆଜି ନୁହେଁ, ସବୁ ଦିନ ପିନ୍ଧିବା ଏବଂ ଆମ ବୁଣାକାର ଓ ଗ୍ରାମ୍ୟ ଅର୍ଥନୀତିକୁ ସଶକ୍ତ କରିବା ସହ ସମୃଦ୍ଧ ଓଡ଼ିଶା ଗଠନରେ ଅଂଶୀଦାର ହେବା ।

(ମୋହନ ଚରଣ ମାଝୀ)
ମୁଖ୍ୟମନ୍ତ୍ରୀ, ଓଡ଼ିଶା

OIPR-31047/13/0001/2425

# ଧରିତ୍ରୀ DHARITRI

ଧରିତ୍ରୀ 51 Years

ଭୁବନେଶ୍ୱର, ଗୁରୁବାର, ଏପ୍ରିଲ ୩/୨୦୨୫ | Bhubaneswar, Thursday, April 3/2025 | ପୃଷ୍ଠା-୧


# ୮୬୪.୪୫ କୋଟିର ଖଣିଜ ରାଜସ୍ୱ ବାଟମାରଣା

**ରାଜ୍ୟରେ ଗତ ୨୨ ବର୍ଷରେ ଖଣି ଅଞ୍ଚଳରେ ଲିଜ୍‌ଧାରୀମାନେ ମନଇଚ୍ଛା ଖଣିଜ ପଦାର୍ଥ ଉତ୍ତୋଳନ କରିଛନ୍ତି। କମ୍ପଟ୍ରୋଲର ଆଣ୍ଡ ଅଡିଟର ଜେନେରାଲ (ସିଏଜି) ତାଙ୍କ ରିପୋର୍ଟରେ ରାଜ୍ୟର ଖଣିଜ ଦୁର୍ନୀତି ସମ୍ପର୍କରେ ସବିଶେଷ ତଥ୍ୟ ଉପସ୍ଥାପନ କରିଛନ୍ତି। ବେଆଇନ ଉତ୍ତୋଳନ ପାଇଁ ସୁପ୍ରିମ୍‌କୋର୍ଟ ଧାର୍ଯ୍ୟ କରିଥିବା ଜରିମାନା ରାଶି ମଧ୍ୟରୁ ୩,୯୬୬.୩୪ କୋଟିଟଙ୍କା (ସୁଧ ସହ) ଲିଜ୍‌ଧାରୀମାନଙ୍କଠାରୁ ଆଦାୟ କରିବାରେ ରାଜ୍ୟ ସରକାର ଉଦ୍ୟମ କରିନାହାନ୍ତି। ସେହିପରି ପ୍ରାଧିକୃତ ସଂସ୍ଥା ଦ୍ୱାରା ଲଘୁ ଖଣିଜ କ୍ରୟ ଟ୍ରାନ୍‌ଜିଟ ପାସ୍ ନ ଦେବା ଯୋଗୁ ୨୦୧୫ରୁ ୨୦୨୨ ମଧ୍ୟରେ ୮୬୪.୪୫ କୋଟି ଟଙ୍କାର ଖଣିଜ ରାଜସ୍ୱ ବାଟମାରଣା ହୋଇଛି ବୋଲି ବୁଧବାର ବିଧାନସଭାରେ ଉପସ୍ଥାପିତ ସିଏଜି ରିପୋର୍ଟରେ ଦର୍ଶାଯାଇଛି।**

**ସିଏଜି ରିପୋର୍ଟ**

**ବେଆଇନ ଉତ୍ତୋଳନ: ଖଣି ଲିଜ୍‌ଧାରୀଙ୍କଠାରୁ ୩,୯୬୬ କୋଟି ଟଙ୍କା ଆଦାୟ ହୋଇପାରିନି**

ଭୁବନେଶ୍ୱର,୨।୪ (ରବିନାରାୟଣ ଜେନା)

ନିୟମ ଉଲ୍ଲଂଘନ କରି ଖଣିଜ ପଦାର୍ଥ ଉତ୍ତୋଳନ କରିଥିଲେ ୧୦୦% ଜରିମାନା ହେବ ବୋଲି ସୁପ୍ରିମ୍‌କୋର୍ଟଙ୍କ ନିର୍ଦ୍ଦେଶ ରହିଥିଲା। ଏହି କ୍ରମରେ ୧୩୧ ଜଣ ଖଣି ଲିଜ୍‌ଧାରୀଙ୍କଠାରୁ ୧୯,୧୭୪.୩୮ କୋଟି ଆଦାୟ କରାଯିବାକୁ ରାଜ୍ୟ ସରକାରଙ୍କୁ ୨୦୧୭ ଅଗଷ୍ଟରେ ନିର୍ଦ୍ଦେଶ ହୋଇଥିଲା। ହେଲେ ଗତ ୬ ବର୍ଷ ମଧ୍ୟରେ ଜରିମାନା ବାବଦ ୧୯,୧୭୮.୩୮ କୋଟି ଟଙ୍କା ମଧ୍ୟ ୩,୯୬୬.୩୪ କୋଟି ଟଙ୍କା ଆଦାୟ ହୋଇପାରିନାହିଁ। ଏପରିକି ଜରିମାନା ଅନାଦେୟ କ୍ଷେତ୍ରରେ ସମ୍ପତ୍ତି ବାଜ୍ୟାପ୍ତି ନିର୍ଦ୍ଦେଶ ଥିଲେ ମଧ୍ୟ ତାହା ଅନୁପାଳନ କରାଯାଇନାହିଁ ବୋଲି ରିପୋର୍ଟରେ ଦର୍ଶାଯାଇଛି।

ବୁଧବାର ଅନୁଷ୍ଠିତ ଖବରଦାତା ସମ୍ମିଳନୀରେ ରାଜ୍ୟ ମହାଲେଖାକାର (ଏଜି) ଅତୁଲ୍ୟ ପ୍ରକାଶ କହିଛନ୍ତି, ୨୦୧୭ ଅଗଷ୍ଟ ୩୧ରେ ସୁପ୍ରିମକୋର୍ଟ ଓଡ଼ିଶା ସରକାରଙ୍କୁ ନିର୍ଦ୍ଦେଶ ଦେଇଥିଲେ ଯେ, ଖଣିଜ ଲୁହାପଥର ଓ ମାଙ୍ଗାନିଜ, ପରିବେଶ ଅନୁମତି(ଇସି) କିମ୍ବା ବିନା ଜଙ୍ଗଲ ଅନୁମତି(ଏଫ୍‌ସି) କିମ୍ବା ଉଭୟ ଅନୁମତି ବିନା ଉତ୍ତୋଳନ କରାଯାଇଥିଲେ, ଏମ୍‌ଏମ୍‌ଡିଆର୍ ନିୟମ ୧୯୫୭ ଏବଂ ଧାରା ୨୧ ଅନୁଯାୟୀ ଖଣିଜ ମୂଲ୍ୟର ଶତକଡ଼ା ୧୦୦ଭାଗ ଲିଜ୍‌ଧାରୀଙ୍କଠାରୁ କ୍ଷତିପୂରଣ ବାବଦକୁ ଆଦାୟ କରାଯାଇପାରିବ। ଏହାକୁ ନେଇ ସମସ୍ତ ଖଣି ଲିଜ୍‌ଧାରୀଙ୍କଠାରୁ ୨୦୧୭ ଡିସେମ୍ବର ୩୧ ମଧ୍ୟରେ କ୍ଷତିପୂରଣ ରାଶି ଆଦାୟ କରାଯିବାକୁ କୁହାଯାଇଥିଲା। ଏସଂକ୍ରାନ୍ତରେ ଏକ କେନ୍ଦ୍ରୀୟ ସଶକ୍ତୀକରଣ କମିଟି ୨୦୧୮ ଜାନୁଆରୀ ୧୭ରେ ହୋଇଥିଲା। କମିଟି ରିପୋର୍ଟରେ ଦର୍ଶାଇଥିଲା ଯେ, ୧୯ହଜାର ୧୭୪.୩୮କୋଟି ଟଙ୍କା ଦାବି ମଧ୍ୟରୁ ୮ହଜାର ୨୮୯.୮୭କୋଟି ଟଙ୍କା ଆଦାୟ ହୋଇଛି ଏବଂ ୧୦ହଜାର ୮୮୪.୫୧କୋଟି ଟଙ୍କା ଆଦାୟ ହୋଇପାରି ନାହିଁ। ସୁପ୍ରିମକୋର୍ଟ ଏନେଇ ବାଧ୍ୟତାମୂଳକ ପଦକ୍ଷେପ ନେବାକୁ ଇସ୍ପାତ ଓ ଖଣି ନିର୍ଦ୍ଦେଶକ ସୁନ୍ଦରଗଡ଼, କେନ୍ଦୁଝର ଓ ମୟୂରଭଞ୍ଜଙ୍କୁ କହିଥିଲେ। ସମ୍ପୃକ୍ତ ଲିଜ୍‌ଧାରୀଙ୍କ ନାମରେ ସାର୍ଟିଫିକେଟ କେସ୍ ପ୍ରକ୍ରିୟା ଆରମ୍ଭ କରିବାକୁ କହିଥିଲେ। ମାମଲା ପରେ ୭୩୭୧.୧୨ କୋଟି ଟଙ୍କା ସୁଧ ସହିତ ଆଦାୟ ହୋଇଛି। ତଥାପି ୬ବର୍ଷ ବିତିଯାଇଥିଲେ ବି ବିଭାଗ ଖଣି ଖିଲାପକାରୀ ତଥା ଖଣି ଲିଜଧାରୀଙ୍କଠାରୁ ୩୯୬୬.୩୪କୋଟି ଟଙ୍କା ଆଦାୟ କରିବାପାଇଁ କୌଣସି ପ୍ରଭାବଶାଳୀ ପଦକ୍ଷେପ ଗ୍ରହଣ କରି ନ ଥିଲେ ବୋଲି ଅତୁଲ୍ୟ କହିଛନ୍ତି।

ସେହିପରି ସମୀକ୍ଷା ବେଳେ ଲଘୁ ଖଣିଜ ପଦାର୍ଥ ନିଲାମରେ ବ୍ୟାପକ ଅନିୟମିତତା ପରିଲକ୍ଷିତ ହୋଇଛି। ଏନେଇ ଅତୁଲ୍ୟ କହିଛନ୍ତି, ରାଜ୍ୟର ଅଣଟିକସ ରାଜସ୍ୱର ମୁଖ୍ୟ ଉତ୍ସ ହେଲା ଲଘୁ ☞ପୃଷ୍ଠା-୨

# ଓଡ଼ିଶା ଆଧାର କାର୍ଡରେ ତେଲୁଗୁ ଭାଷା

**କୋରାପୁଟ ଜିଲାର କୋଟିଆ ଅଞ୍ଚଳରେ ନିଜର ଆଧିପତ୍ୟ ବିସ୍ତାର କରିବାକୁ ପଡ଼ୋଶୀ ଆନ୍ଧ୍ରପ୍ରଦେଶ ଲଗାତର ଉଦ୍ୟମ କରିଆସୁଛି। ପଟାଙ୍ଗୀ ବ୍ଲକର କୋଟିଆ ପଞ୍ଚାୟତବାସୀଙ୍କୁ ବିଭିନ୍ନ ଉପାୟରେ ପ୍ରଲୋଭିତ କରି ସେମାନଙ୍କୁ କରାୟତ୍ତ ପାଇଁ ଆନ୍ଧ୍ର ଅଧିକାରୀମାନେ ଚେଷ୍ଟା ଚଳାଇଛନ୍ତି। ସେଥିପାଇଁ ସେମାନେ ବିଭିନ୍ନ ସରକାରୀ ଯୋଜନାରେ କୋଟିଆବାସୀଙ୍କୁ ଲାଭାନ୍ୱିତ କରିବାକୁ ଯାଇ ଓଡ଼ିଆ ବଦଳରେ ତେଲୁଗୁ ଭାଷା ବ୍ୟବହାର ପାଇଁ ଚାପ ପକାଉଛନ୍ତି। ଏପରି କି ଆଧାର କାର୍ଡର ତଥ୍ୟ ତେଲୁଗୁରେ ଉଲ୍ଲେଖ କରିବାକୁ ସେମାନେ ଲୋକଙ୍କୁ ପ୍ରବର୍ତ୍ତାଉଛନ୍ତି। ଏଭଳିସ୍ଥଳେ ଓଡ଼ିଶା ଅଧିକାରୀଙ୍କ ଅବହେଳା ଓ ତ୍ରୁଟି ଆନ୍ଧ୍ର ଅଧିକାରୀଙ୍କ ଉଦ୍ଦେଶ୍ୟକୁ ଅନେକାଂଶରେ ସଫଳ କରୁଛି। କାରଣ କୋଟିଆର ଅନେକ ଲୋକଙ୍କ ଆଧାର କାର୍ଡରେ ସେମାନଙ୍କ ବ୍ୟକ୍ତିଗତ ତଥ୍ୟ ଓଡ଼ିଆ ପରିବର୍ତ୍ତେ ତେଲୁଗୁ ଭାଷାରେ ଉଲ୍ଲେଖ ହୋଇଥିବାବେଳେ ନାମ, ବୟସ, ଠିକଣା ଆଦି କେତେକ ତ୍ରୁଟି ପରିଲକ୍ଷିତ ହୋଇଛି। ଫଳସ୍ୱରୂପ କୋଟିଆ ଅଧିବାସୀ ଓଡ଼ିଶା ସରକାରଙ୍କ ଜନକଲ୍ୟାଣକାରୀ ସୁବିଧାରୁ ବଞ୍ଚିତ ହୋଇ ଆନ୍ଧ୍ର ଆଡ଼କୁ ଢଳିବା ଭଳି ସ୍ଥିତି ଉପୁଜିଛି।**

## କାର୍ଡରେ ତଥ୍ୟଗତ ତ୍ରୁଟି, ଲାଭ ଉଠାଉଛି ଆନ୍ଧ୍ର









ଆଧାର କାର୍ଡରେ କୋରାପୁଟ ଜିଲା କୋଟିଆର ଖରା ଝିପାଇଙ୍କ ତଥ୍ୟ ତେଲୁଗୁ ଭାଷାରେ ଉଲ୍ଲେଖ ରହିଛି।

ପଟ୍ଟାଙ୍ଗି,୨।୪ (ଶରତ କୁମାର ଧଳ)

ସୀମାନ୍ତ ଗ୍ରାମଗୁଡ଼ିକରେ ଓଡ଼ିଆ ଭାଷା ସୁରକ୍ଷିତ ରହିବା ନେଇ ସରକାରୀ ସ୍ତରରେ ବିଶେଷ ଧ୍ୟାନ ଦିଆଯିବା ଆବଶ୍ୟକ ଥିବାବେଳେ ଏଥିରେ ବ୍ୟତିକ୍ରମ ଦେଖାଦେଇଛି। ମଙ୍ଗଳବାର କୋରାପୁଟ ଜିଲା ପଟ୍ଟାଙ୍ଗି ବ୍ଲକ୍ ଅଧୀନ ସୀମାନ୍ତ କୋଟିଆ ଅଞ୍ଚଳରେ ଜିଲା ଓ ବ୍ଲକ୍ ପ୍ରଶାସନ ପକ୍ଷରୁ ଓଡ଼ିଶା ଦିବସ ପାଳନବେଳେ ଏପରି ଏକ ଘଟଣା ସାମ୍ନାକୁ ଆସିଛି। କାର୍ଯ୍ୟକ୍ରମରେ ଉପସ୍ଥିତ ଜଣେ ବୃଦ୍ଧା ଆର୍ଜୁବାଲସା ଗ୍ରାମର ଖରା ଝିପାଇଙ୍କ ପାଖରେ ଥିବା ଓଡ଼ିଶାର ଆଧାର କାର୍ଡରେ ଅନେକ ତଥ୍ୟ ତେଲୁଗୁ ଭାଷାରେ ରହିଛି। ଆଧାର କାର୍ଡ ଯଦି ଓଡ଼ିଶାର ତା'ହେଲେ ଏଥିରେ ତେଲୁଗୁ ଭାଷା ରହିବା ନେଇ ପ୍ରଶ୍ନ ଉଠିଛି। ଖରାଙ୍କ ଆଧାର କାର୍ଡରେ ଉଲ୍ଲେଖ ଥିବା ଜନ୍ମ ତାରିଖ ସମ୍ପୂର୍ଣ୍ଣ ଭୁଲ୍ ରହିଛି। ତାଙ୍କ ବୟସ ପ୍ରାୟ ୭୦ ବର୍ଷ ହୋଇଥିବା ବେଳେ କାର୍ଡରେ ୪୫ ବର୍ଷ ଉଲ୍ଲେଖ ରହିଛି। ଏହିପରି ଭୁଲ୍ ତଥ୍ୟ ପାଇଁ ବର୍ତ୍ତମାନ ସୁଦ୍ଧା ଅନେକ ସୀମାନ୍ତବାସୀ ଓଡ଼ିଶା ସରକାରଙ୍କ ବିଭିନ୍ନ ଯୋଜନାରୁ ବଞ୍ଚିତ ରହୁଥିବାବେଳେ ପଡ଼ୋଶୀ ଆନ୍ଧ୍ର ଏହାର ସୁଯୋଗ ନେବାରେ ସଫଳ ହେଉଛି। ଏହିପରି ବ୍ୟତିକ୍ରମ ଯୋଗୁ ସୀମାନ୍ତ ଗ୍ରାମଗୁଡ଼ିକରେ ଓଡ଼ିଆ ଭାଷାର ସୁରକ୍ଷା ନେଇ ବାଧା ରହିଥିବା ଉକ୍ତ ବୃଦ୍ଧାଙ୍କ ଆଧାର କାର୍ଡରୁ ସ୍ପଷ୍ଟ ହେଉଛି। କାର୍ଯ୍ୟକ୍ରମକୁ କାହିଁକି ଆଧାର କାର୍ଡ ନେଇଆସିଛ ବୋଲି ଖରାଙ୍କୁ ପ୍ରଶ୍ନ କରିବାରୁ, ସେ ବାର୍ଦ୍ଧକ୍ୟ ଭତ୍ତା ପାଇବାରୁ ବଞ୍ଚିତ ରହିଥିବା କହିଛନ୍ତି। ତେଣୁ ତାଙ୍କୁ ଆଧାର କାର୍ଡ ନେଇ ଆସିବାକୁ କୁହାଯାଇଥିବାରୁ ସେ ଆସିଥିବା କହିଛନ୍ତି।

ଏ ସମ୍ପର୍କରେ ପଟ୍ଟାଙ୍ଗି ବ୍ଲକ୍ ଅଧୀନରେ ଥିବା ସାମାଜିକ ସୁରକ୍ଷା ଭିନ୍ନକ୍ଷମ ବିଭାଗର ବିଏସ୍ଏସ୍ଓ ସୁଧୀର ସାହୁଙ୍କୁ ପଚାରିବାରୁ ବୃଦ୍ଧାଙ୍କ ଆଧାର କାର୍ଡ ଅନ୍‌ଲାଇନ୍‌ରେ ଦେଖାଉନାହିଁ। କିନ୍ତୁ ଉକ୍ତ ପଞ୍ଚାୟତର ଅନେକ ସୀମାନ୍ତ ଗ୍ରାମବାସୀ ଦୁଇ ରାଜ୍ୟରୁ ଲାଭ ଉଠାଇବା ପାଇଁ ଆଧାର କାର୍ଡରେ ଏଡିଟିଂ କରି ନିଜ ପାଇଁ ବିପଦ ଆଣିବା ସହ ସମସ୍ୟାର ସମ୍ମୁଖୀନ ହେଉଥିବା କହିଛନ୍ତି। ଏ ନେଇ ସ୍ଥାନୀୟ ବିଡିଓ ରାମକୃଷ୍ଣ ନାୟକଙ୍କୁ ପଚାରିବାରୁ ଏହିପରି ବ୍ୟତିକ୍ରମ ତାଙ୍କ ☞ପୃଷ୍ଠା-୨

# ଆରମ୍ଭ ହେଲା ପ୍ରାକ୍ ପ୍ରାଥମିକ ପିଲାଙ୍କ ପାଇଁ ଶିଶୁ ବାଟିକା



ଭୁବନେଶ୍ୱରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ବୁଧବାର ଜଣେ ଛାତ୍ରଙ୍କ ଖଡ଼ିଛୁଆଁ କରୁଛନ୍ତି।

ଭୁବନେଶ୍ୱର,୨।୪ (ସୁଚିସ୍ମିତା ସାହୁ)

**ପ୍ରବେଶ ଉତ୍ସବ, ଖଡ଼ିଛୁଆଁ କାର୍ଯ୍ୟକ୍ରମର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ**

ରାଜ୍ୟରେ ବୁଧବାର ଆରମ୍ଭ ହୋଇଯାଇଛି ପ୍ରାକ୍ ପ୍ରାଥମିକ ପିଲାଙ୍କ ପାଇଁ ଶିଶୁ ବାଟିକା। ଏହି ଅବସରରେ ଭୁବନେଶ୍ୱରର ବଡ଼ଗଡ଼ ସରକାରୀ ଉଚ୍ଚ ବିଦ୍ୟାଳୟରେ ଛାତ୍ରୀଛାତ୍ରଙ୍କ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ କାର୍ଯ୍ୟକ୍ରମ ଆୟୋଜିତ ହୋଇଛି। ଏଥିରେ କୁନି କୁନି ପିଲାମାନେ ସିଲଟ୍ ଓ ଖଡ଼ି ଧରି ଉପସ୍ଥିତ ଥିଲେ। ସେମାନଙ୍କ ☞ପୃଷ୍ଠା-୨

## ଯୁଦ୍ଧବିରତି ପାଇଁ ମାଓବାଦୀଙ୍କ ଆହ୍ୱାନ

ମାଲକାନଗିରି,୨।୪ (ଦୁର୍ଯ୍ୟୋଧନ ପାତ୍ର)

କେନ୍ଦ୍ରୀୟ ମାଓବାଦୀ ସଙ୍ଗଠନ ପକ୍ଷରୁ ଏକ ପ୍ରେସ୍ ବିଜ୍ଞପ୍ତି ବୁଧବାର ଜାରି କରାଯାଇଛି। ଏଥିରେ ଉଲ୍ଲେଖ ରହିଛି, ସଙ୍ଗଠନ ଶାନ୍ତିବାର୍ତ୍ତା ପାଇଁ ପ୍ରସ୍ତୁତ ସହ ଯୁଦ୍ଧବିରତି ଆହ୍ୱାନ ଦେଇଛି। ଗତ ୨୪ ତାରିଖରେ ହାଇଦ୍ରାବାଦରେ ଏକ ବୈଠକ ହୋଇଥିଲା, ଏଥିରେ ମାଓବାଦୀଙ୍କ ସୁରକ୍ଷା ସମ୍ପର୍କରେ ଆଲୋଚନା କରାଯାଇଥିଲା। ଅନ୍ୟପକ୍ଷରେ କେନ୍ଦ୍ରୀୟ ସଙ୍ଗଠନର ବଡ଼ ବଡ଼ କ୍ୟାଡରମାନେ ନିହତ ହୋଇଥିବାରୁ ତାହା ଦୁର୍ବଳ ହେବାରେ ଲାଗିଛି। ଏହାକୁ ଦୃଷ୍ଟିରେ ରଖି ସଙ୍ଗଠନ ତରଫରୁ ଯୁଦ୍ଧ ବିରତି ଓ ଶାନ୍ତି ବାର୍ତ୍ତା ନିମନ୍ତେ ପ୍ରେସ୍ ବିଜ୍ଞପ୍ତି ମାଧ୍ୟମରେ ସରକାରଙ୍କୁ ପ୍ରସ୍ତାବ ଦେଇଛନ୍ତି। ଉକ୍ତ ପ୍ରେସ୍ ବିଜ୍ଞପ୍ତିରେ ଉଲ୍ଲେଖ ରହିଛି, ଛତିଶଗଡ଼ରେ ପୋଲିସ -ମାଓବାଦୀଙ୍କ ମଧ୍ୟରେ ଯୁଦ୍ଧ ଜାରି ରହିଛି। ଛତିଶଗଡ଼ ସରକାର ସବୁ ସମୟରେ କୋମ୍ବିଂ, ସର୍ଚ୍ଚ ଅପରେଶନ କରିବାରୁ ବହୁ ମାଓବାଦୀ ଗିରଫ ହୋଇଥିବା ବେଳେ ବହୁ ଲୋକ ନିହତ ମଧ୍ୟ ହୋଇଛନ୍ତି। କେବଳ ଏତିକି ନୁହେଁ, ପୋଲିସ-ମାଓବାଦୀଙ୍କ ଯୁଦ୍ଧରେ ନିରୀହ ଆଦିବାସୀ ☞ପୃଷ୍ଠା-୨

**ଆଜିର ସମ୍ପାଦକୀୟ**

**ସାତ ଶତାବ୍ଦୀର କଥା**

# ୱାକ୍‌ଫ ସଂଶୋଧନ ବିଲ୍ ଲୋକ ସଭାରେ ପାରିତ

- ମୁସଲମାନ ସମ୍ପ୍ରଦାୟକୁ ବିଭ୍ରାନ୍ତ ଉଦ୍ୟମ କରିଛନ୍ତି ବିରୋଧୀ: କେନ୍ଦ୍ର
- ସରକାର ସଂଖ୍ୟାଲଘୁଙ୍କ ଧର୍ମୀୟ ଅଧିକାର ଛଡ଼ାଇନେବାକୁ ମସୁଧା ଚଳାଇଛନ୍ତି: କଂଗ୍ରେସ
- ବିଲ୍ ବିରୋଧରେ ଦେଶବ୍ୟାପୀ ଆନ୍ଦୋଳନ କରିବ ଏଆଇଏମ୍‌ପିଏଲ୍‌ବି



ନୂଆଦିଲ୍ଲୀ,୨।୪

ପାର୍ଲାମେଣ୍ଟର ବଜେଟ ଅଧିବେଶନ ଏପ୍ରିଲ ୪ରେ ଶେଷ ହେବାକୁ ଥିବାବେଳେ ଏହା ପୂର୍ବରୁ କେନ୍ଦ୍ରର ଜାତୀୟ ଗଣତାନ୍ତ୍ରିକ ମେଣ୍ଟ (ଏନ୍‌ଡିଏ) ସରକାର ସଂସଦରେ ଏକ ବଡ଼ ସଫଳତା ହାସଲ କରିଛି। ସରକାରଙ୍କ ପକ୍ଷରୁ ବୁଧବାର ଲୋକ ସଭାରେ ଆଗତ ୱାକ୍‌ଫ ସଂଶୋଧନ ବିଲ୍ ୧୨ ଘଣ୍ଟାରୁ ଊର୍ଦ୍ଧ୍ୱ ସମୟ ଧରି ମାରାଥନ୍ ବିତର୍କ ପରେ ବିଳମ୍ବିତ ରାତିରେ ପାରିତ ହୋଇଛି। ବିଲ୍ ସପକ୍ଷରେ ୨୮୮ ଓ ବିରୋଧରେ ୨୩୨ ଭୋଟ ପଡ଼ିଥିଲା। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଭୋଟ ଦେବାକୁ ଆସି ନ ଥିଲେ। ମଧ୍ୟାହ୍ନ ୧୨ଟାରୁ ରାତି ଗୋଟାଏ ପର୍ଯ୍ୟନ୍ତ ବିଲ୍ ଉପରେ ଜୋର୍‌ଦାର ଆଲୋଚନା ଜାରି ରହିଥିଲା। ରାତି ୧ଟା ୩୦ରେ ବାଚସ୍ପତି ଓମ୍ ବିର୍ଲା ବିଲ୍‌କୁ ଗୃହର ମଞ୍ଜୁରୀ ମିଳିଥିବା ନେଇ ଘୋଷଣା କରିଥିଲେ। ବିଲ୍ ନିମ୍ନ ସଦନରେ ପାରିତ ହେବା ପରେ ଏବେ ଏହା ରାଜ୍ୟ ସଭାକୁ ଯିବ। ରାଜ୍ୟ ସଭାରେ ଗୃହୀତ ହେବା ପରେ ରାଷ୍ଟ୍ରପତିଙ୍କ ମୋହର କ୍ରମେ ଆଇନରେ ପରିଣତ ହେବ। ଅନ୍ୟପକ୍ଷେ ଉକ୍ତ ବିବାଦୀୟ ବିଧେୟକକୁ ଅଲ୍ ଇଣ୍ଡିଆ ମୁସଲିମ୍ ପର୍ସନାଲ ଲ' ବୋର୍ଡ (ଏଆଇଏମ୍‌ପିଏଲ୍‌ବି) ଅଦାଲତରେ

**ସପକ୍ଷରେ ୨୮୮**
**ବିରୋଧରେ ୨୩୨**

ଚ୍ୟାଲେଞ୍ଜ ସହ ଏହା ବିରୋଧରେ ଦେଶବ୍ୟାପୀ ଆନ୍ଦୋଳନ କରିବ ବୋଲି ଚେତାବନୀ ଦେଇଛି। ଏହି 'କଳା ଆଇନ' ମୁସଲମାନ ସମ୍ପ୍ରଦାୟର ଅଧିକାରଗୁଡ଼ିକୁ ଛଡ଼ାଇନେବା ଆଶଙ୍କା ଥିବାରୁ ଲଢ଼େଇ ଜାରି ରହିବ ବୋଲି ବୋର୍ଡ କହିଛି। ସାମ୍ପ୍ରଦାୟିକ ସଦ୍ଭାବନା ନଷ୍ଟ ହେବା ଆଶଙ୍କା କରି ଉତ୍ତର ପ୍ରଦେଶର କେତେକ ସହରରେ କଡ଼ା ସୁରକ୍ଷା ବନ୍ଦୋବସ୍ତ କରାଯାଇଛି।

ସଂଖ୍ୟାଲଘୁ ଓ ସଂସଦୀୟ ବ୍ୟାପାର ମନ୍ତ୍ରୀ କିରେନ୍ ରିଜିଜୁ ଅପରାହ୍ନ ୧୨ଟାରେ ୱାକ୍‌ଫ (ସଂଶୋଧନ) ବିଲ୍, ୨୦୨୫କୁ ଆଲୋଚନା ଓ ଗୃହର ଅନୁମୋଦନ ନିମନ୍ତେ ଆଗତ କରିଥିଲେ। ଏହା ପୂର୍ବରୁ ଉଭୟ ଶାସକ ଓ ବିରୋଧୀ ପକ୍ଷର ଦଳଗୁଡ଼ିକ ନିଜ ନିଜ ସଦସ୍ୟଙ୍କ ଉଦ୍ଦେଶ୍ୟରେ ହୁଇପ୍ ଜାରି କରିଥିଲେ। ତେବେ ଯୁଗ୍ମ ସଂସଦୀୟ କମିଟି (ଜେପିସି) ପକ୍ଷରୁ କରାଯାଇଥିବା ସୁପାରିସ ଆଧାରରେ ପ୍ରସ୍ତୁତ ଉକ୍ତ ବିଧେୟକରେ ୱାକ୍‌ଫ ସମ୍ପତ୍ତିଗୁଡ଼ିକର ପ୍ରଶାସନକୁ ତ୍ୱରାନ୍ୱିତ କରିବା ସହ ଟେକ୍ନୋଲୋଜି ଜରିଆରେ ଏହାର ପରିଚାଳନା ଏବଂ ସ୍ୱଚ୍ଛତା ଆଣିବା ନେଇ ଲକ୍ଷ୍ୟ ରଖାଯାଇଛି। ଲୋକ ସଭାରେ ବିଧେୟକ ଆଗତ କରାଯିବା ମାତ୍ରେ ଏହାକୁ ନେଇ ବିତର୍କ ଆରମ୍ଭ ହୋଇଯାଇଥିଲା। ରିଜିଜୁ ନିଜ ଯୁକ୍ତିରେ ଦର୍ଶାଇଥିଲେ, ୱାକ୍‌ଫ ବିଲ୍‌କୁ ୟୁନିଫାଏଡ୍ ୱାକ୍‌ଫ ମ୍ୟାନେଜ୍‌ମେଣ୍ଟ, ଏମ୍ପାୱାରମେଣ୍ଟ, ଏଫିସିଏନ୍ସି ଆଣ୍ଡ ଡେଭେଲପ୍‌ମେଣ୍ଟ (ୟୁଏମ୍‌ଇଇଡି) ବିଲ୍ ରୂପେ ନାମକରଣ କରାଯାଇଛି। ଗତବର୍ଷ ଆଗତ କରାଯାଇଥିବା ମୂଳ ବିଲ୍‌ରେ ଜେପିସିର ସମୀକ୍ଷା ତଥା ଯାଞ୍ଚ ପରେ ଏହାକୁ ପୁନଃ ☞ପୃଷ୍ଠା-୨

# ବିଧାନସଭାରେ ରାତିତମାମ ବିତର୍କ

**ଓଡ଼ିଶା ବିଶ୍ୱବିଦ୍ୟାଳୟ (ସଂଶୋଧନ) ବିଲ୍ ୨୦୨୫**

**ଓଡ଼ିଶା ବିଶ୍ୱବିଦ୍ୟାଳୟ (ସଂଶୋଧନ) ବିଲ୍ ୨୦୨୫ ଉପରେ ବିଧାନସଭାରେ ବୁଧବାର ଅପରାହ୍ନ ୪ଟାରୁ ଆରମ୍ଭ ହୋଇଥିବା ଆଲୋଚନା ରାତିତମାମ ଜାରି ରହିଥିଲା। ରାତି ୨ଟାରେ ରିପୋର୍ଟ ପ୍ରସ୍ତୁତି ସୁଦ୍ଧା ବିଲ୍ ଉପରେ ବିରୋଧୀ ଆଣିଥିବା ସଂଶୋଧନ ପ୍ରସ୍ତାବ ଉପରେ ବିତର୍କ ଚାଲିଥିଲା। ଏହି ବିଲ୍ ସମେତ ଓଡ଼ିଶା ରାଜ୍ୟ ରାଜପଥ ପ୍ରାଧିକରଣ-୨୦୨୫ ବିଲ୍ ମଧ୍ୟ ପାରିତ ହେବା ଯାଏ ଗୃହ ଚାଲିବ ବୋଲି କୁହାଯାଉଛି। ବିଧାନସଭାର ଅପରାହ୍ନ ଅଧିବେଶନ ରାତି ୯ଯାଏ ଚାଲିବାର ବ୍ୟବସ୍ଥା ରହିଛି। ଉପରୋକ୍ତ ୨ ବିଲ୍‌ର ଆଲୋଚନା ପାଇଁ ଗୃହ କାର୍ଯ୍ୟ ସମୟ ସୀମା ବଢ଼ାଇବା ନିମନ୍ତେ ସରକାରୀ ଦଳ ମୁଖ୍ୟ ସଚେତକ ସରୋଜ ପ୍ରଧାନ ଏକ ମୋଶନ ଗୃହରେ ଆଗତ କରିଥିଲେ। ତାହାକୁ ବାଚସ୍ପତି ସୁରମା ପାଢ଼ୀ ଅନୁମୋଦନ ଦେଇଥିଲେ।**

ଭୁବନେଶ୍ୱର,୨।୪(ସୁନିତ୍ ମିଶ୍ର)

ଓଡ଼ିଶା ବିଶ୍ୱବିଦ୍ୟାଳୟ ସଂଶୋଧନ ବିଲ୍ ୨୦୨୫କୁ ବିରୋଧୀ ଦଳର ସଦସ୍ୟମାନେ ସିଲେକ୍ଟ କମିଟିକୁ ପଠାଇବାକୁ ଆଲୋଚନାବେଳେ ଦାବି କରିଥିଲେ। ଏହାପରେ ଶାସକ ଦଳ ସଦସ୍ୟମାନେ ପାଲଟା ବିରୋଧୀଙ୍କୁ ଟାର୍ଗେଟ କରିଥିଲେ। ବିଶ୍ୱବିଦ୍ୟାଳୟରେ କୁଳପତି, ପ୍ରଫେସର ଏବଂ ଆସିଷ୍ଟାଣ୍ଟ ପ୍ରଫେସରଙ୍କ ନିଯୁକ୍ତିରେ ସ୍ୱଚ୍ଛତା ରହିବନି ବୋଲି ବିରୋଧୀ ଦର୍ଶାଇ ବିଲ୍ ଉପରେ ପ୍ରଶ୍ନ ଉଠାଇଛନ୍ତି। ହେଲେ ବିଜେଡି ସରକାର ସମୟରେ ଅଣାଯାଇଥିବା ବିଲ୍‌ରେ ସ୍ୱଚ୍ଛତା ନ ଥିଲା ବୋଲି ଶାସକ ଦଳ ଜବାବ ଦେଇଛି।

ଆଲୋଚନା ଆରମ୍ଭକରି ବରିଷ୍ଠ ବିଜେଡି ସଦସ୍ୟ ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଛନ୍ତି, କେନ୍ଦ୍ର ସରକାର ୨୯ ଜୁଲାଇ ୨୦୨୦ ରେ ଜାତୀୟ ଶିକ୍ଷାନୀତି ଆଣିଥିଲେ। ହେଲେ କୌଣସି ରାଜ୍ୟ ସରକାର, ଅଂଶୀଦାରଙ୍କ ମତାମତ ସେତେବେଳେ ଲୋଡ଼ାଯାଇ ନ ଥିଲା। ଜାତୀୟ ଶିକ୍ଷାନୀତି ଉପରକୁ ଆକର୍ଷଣୀୟ ଦେଖାଯାଉଥିଲେ ମଧ୍ୟ ଶିକ୍ଷାର ଘରୋଇକରଣ ପାଇଁ ତାହା ଆସିଛି। ବିଭିନ୍ନ ବିଶ୍ୱବିଦ୍ୟାଳୟରେ ଅଧ୍ୟାପକ, ପ୍ରଫେସର ପଦବୀ କୋର୍ଟଜନିତ ମାମଲା ଯୋଗୁ ଦୀର୍ଘବର୍ଷ ଧରି ପୂରଣ ହୋଇପାରୁ ନ ଥିବାରୁ ତତ୍କାଳୀନ କୁଳାଧିପତି ପ୍ରଫେସର ଗଣେଶୀ ଲାଲ ତାଙ୍କ ସଚିବଙ୍କ ଦ୍ୱାରା ମୁଖ୍ୟ ସଚିବଙ୍କୁ ଚିଠି ଲେଖିଥିଲେ, କୌଣସି ସରକାରୀ ଏଜେନ୍ସି ଦ୍ୱାରା ବିଶ୍ୱବିଦ୍ୟାଳୟରେ ନିଯୁକ୍ତି ପ୍ରକ୍ରିୟା କରାଯାଉ। ଏହାପରେ ୨୦୨୦ ନଭେମ୍ବର ୯ରେ ଓଡ଼ିଶା ବିଶ୍ୱବିଦ୍ୟାଳୟ ସଂଶୋଧନ ଆଇନ ୨୦୨୦ ଆସିଥିଲା। ଏହାପରେ ଓପିଏସ୍‌ସି ମାଧ୍ୟମରେ ନିଯୁକ୍ତି ପ୍ରକ୍ରିୟା ହୋଇଥିଲା। କିନ୍ତୁ ୨୦୨୧ରେ ଏହି ଶିକ୍ଷାନୀତିକୁ ବିରୋଧ କରି ହାଇକୋର୍ଟରେ ମାମଲା ଦାୟର ହୋଇଥିଲା। ଉଦ୍ଦେଶ୍ୟମୂଳକ ଭାବେ ୟୁଜିସିକୁ ଏକ ☞ପୃଷ୍ଠା-୯

## ୫ ବର୍ଷରେ ବିଦ୍ୟୁତ୍ ଆଘାତରେ ୨୭ ହାତୀ ମୃତ

**୧୦୭ ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ**

ଭୁବନେଶ୍ୱର,୨।୪ (ରବିନାରାୟଣ ଜେନା)

ହାତୀ-ମଣିଷ ଲଢ଼େଇ କିଛି ନୂଆକଥା ନୁହେଁ। ହେଲେ ଦିନକୁଦିନ ଜନସଂଖ୍ୟା ବଢ଼ିବା ଯୋଗୁ ଜଙ୍ଗଲକୁ ଲୋକେ ଅକ୍ତିଆର କରିନେଉଥିବାବେଳେ ହାତୀ ଓ ବନ୍ୟଜନ୍ତୁଗୁଡ଼ିକ ମଣିଷ ଜଗତ ଭିତରକୁ ଧସେଇ ପଶୁଛନ୍ତି। ଏହାକୁ ନେଇ ଚାଲିଛି ଲଢ଼େଇ। କେତେବେଳେ ହାତୀ ମରୁଛି ତ ଆଉ କେତେବେଳେ ମଣିଷ। ତେବେ ଏହି ପରିପ୍ରେକ୍ଷୀରେ ବନ୍ୟଜନ୍ତୁ ମୃତ୍ୟୁର ଆଉ ଗୋଟିଏ କାରଣ ହେଉଛି ବିଦ୍ୟୁତ୍ ଆଘାତ। ଗତ ୫ ବର୍ଷରେ କେବଳ ବିଦ୍ୟୁତ୍ ଆଘାତରେ ୨୭ ହାତୀ ମୃତ୍ୟୁବରଣ କରିଛନ୍ତି। ଏଥିପାଇଁ 'ଡିସ୍‌କମ୍'ର ୧୦୭ ଅଧିକାରୀଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଛି। ବିଜେଡି ସଦସ୍ୟ ଅରୁଣ କୁମାର ସାହୁଙ୍କ ☞ପୃଷ୍ଠା-୨

# ଆଜି କ'ଣ କେଉଁଠି

## ଭୁବନେଶ୍ୱର
- ଦିଲ୍ ଏକାଡେମୀ ଭୁବନେଶ୍ୱର ପକ୍ଷରୁ ସମ୍ବର୍ଦ୍ଧନା ସମାରୋହ, ସ୍ଥାନ: ବୁଦ୍ଧ ମନ୍ଦିର, ସମୟ: ପୂର୍ବାହ୍ନ ୧୦ଟା ୩୦।
- ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟ ଛାତ୍ରୀଛାତ୍ରଙ୍କ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ 'ସଂସ୍କୃତି ବିଚିତ୍ରା', ସ୍ଥାନ: ରବୀନ୍ଦ୍ର ମଣ୍ଡପ, ସମୟ: ସନ୍ଧ୍ୟା ୬ଟା।

## କଟକ
- ଏନ୍‌ସିସି ଗ୍ରୁପ୍ ହେଡ୍ କ୍ୱାର୍ଟର ପକ୍ଷରୁ ସାଇକଲ ରାଲି, ସ୍ଥାନ: କ୍ୟାଣ୍ଟନମେଣ୍ଟ ରୋଡ, ସମୟ: ପୂର୍ବାହ୍ନ ୧୧ଟା।
- ଶୈଳବାଳା ମହିଳା ସ୍ୱୟଂଶାସିତ ମହାବିଦ୍ୟାଳୟ ସଂସ୍କୃତ ପିଜି ବିଭାଗ ପକ୍ଷରୁ ବାର୍ଷିକ ଆଲୋଚନାଚକ୍ର, ସ୍ଥାନ: ବିଭାଗ ସମ୍ମିଳନୀ କକ୍ଷ, ସମୟ: ପୂର୍ବାହ୍ନ ୧୧ଟା ୩୦।
- ରେଭେନ୍ସା ବିଶ୍ୱବିଦ୍ୟାଳୟର ସମାଜଶାସ୍ତ୍ର ବିଭାଗ ପକ୍ଷରୁ ଆଲୋଚନାଚକ୍ର, ସ୍ଥାନ: ବିଭାଗ ସମ୍ମିଳନୀ କକ୍ଷ, ବିଶ୍ୱବିଦ୍ୟାଳୟ ପରିସର, ସମୟ: ଅପରାହ୍ନ ୨ଟା ୩୦।
- ନୀଳଚକ୍ର ଓ ବ୍ରହ୍ମାନନ୍ଦ ପଣ୍ଡା ଫାଉଣ୍ଡେସନର ମିଳିତ ଆନୁକୂଲ୍ୟରେ ପୂର୍ବତନ ଏମ୍‌ପି ବ୍ରହ୍ମାନନ୍ଦ ପଣ୍ଡାଙ୍କ ୬୬ତମ ଜୟନ୍ତୀ, ସ୍ଥାନ: କଟକ ଶ୍ରୀରାମଚନ୍ଦ୍ର ଭବନ, ସମୟ: ସନ୍ଧ୍ୟା ୬ଟା ୩୦।

## ଖୋର୍ଦ୍ଧା
- ଶ୍ରୀରାମ ଚରିତ ନବାହ ପାରାୟଣ, ସ୍ଥାନ: ବେଗୁନିଆ ଦୁର୍ଗାମଣ୍ଡପ, ସମୟ: ସକାଳ ୭ଟା।
- ପ୍ରବଚନ, ଜ୍ଞାନ ଯଜ୍ଞ ଓ ଆଧ୍ୟାତ୍ମିକ ସମାରୋହ, ସ୍ଥାନ: ବେଗୁନିଆ ଦୁର୍ଗାମଣ୍ଡପ, ସମୟ: ୭ଟା ୩୦।
- ମୁଖ୍ୟମନ୍ତ୍ରୀଙ୍କ ଖୋର୍ଦ୍ଧା ଗସ୍ତ, ସ୍ଥାନ: ହଳିଦାପଦାରେ ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ ଓ ସଭା, ହଳଦିପଦା, ସମୟ: ପୂର୍ବାହ୍ନ ୧୦ଟା।
- ମା' ଜାଗୁଲେଇଙ୍କ ବାସନ୍ତିକ ଦୁର୍ଗା ପୂଜା ଓ ଚୈତ୍ର ନବରାତ୍ରୀ ଅବସରରେ ମା' ଜାଗୁଲେଇ ଦେଉଳରେ ଓଷା, ସ୍ଥାନ: କୁଦିଆରାସ୍ଥ ମା'ଙ୍କ ମନ୍ଦିର, ସମୟ: ରାତି ୮ଟା।

## ଭଦ୍ରକ
- ବାଇକ୍ ଶୋଭାଯାତ୍ରା, ସ୍ଥାନ: ଶ୍ରୀରାମ ମନ୍ଦିର, ରାମନବମୀ ପଡ଼ିଆ, ଲକ୍ଷ୍ମୀବାସପୁର, ବାସୁଦେବପୁର, ସମୟ: ଅପରାହ୍ନ ୪ଟା।
- ସାଂସ୍କୃତିକ କାର୍ଯ୍ୟକ୍ରମ, ସ୍ଥାନ: ଗାନ୍ଧୀପଡ଼ିଆ, ଭଦ୍ରକ, ସମୟ: ସନ୍ଧ୍ୟା ୬ଟା।
- ଶ୍ରୀରାମ ଚରିତ ମାନସ ଜ୍ଞାନଯଜ୍ଞ ପାରାୟଣ ଓ ପ୍ରବଚନ ସନ୍ଧ୍ୟା, ସ୍ଥାନ: ଲୋକନାଥ ମନ୍ଦିର ପରିସର, ଭଦ୍ରକ, ସମୟ: ସନ୍ଧ୍ୟା ୬ଟା।
- ନବଗ୍ରହ ମନ୍ଦିର ବିଶ୍ୱଶାନ୍ତି ମହାଯଜ୍ଞ ପୂର୍ଣ୍ଣାହୁତି, ସ୍ଥାନ: ଲକ୍ଷ୍ମୀପ୍ରସାଦ, ରାଜଘରପୋଖରୀ, ବାସୁଦେବପୁର,

ସମୟ: ସନ୍ଧ୍ୟା ୭ଟା।

## ମୟୂରଭଞ୍ଜ
- ମା' ବାସନ୍ତୀ ପୂଜା ଉପଲକ୍ଷେ ବିଲ୍ୱବରଣ, ସ୍ଥାନ: ଭୀମଦା, ବଡ଼ସାହି, ସମୟ: ରାତି ୮ଟା।
- ଅଷ୍ଟପ୍ରହର ନାମଯଜ୍ଞ, ସ୍ଥାନ: ଚିତ୍ରଡ଼ା କାକୁଡ଼ିଆ ଗ୍ରାମ, ମୋରଡ଼ା, ସମୟ: ସକାଳ ୯ଟା।
- ୧୩ ତମ ବାସନ୍ତୀ ପୂଜାର ବିଲ୍ୱବରଣ ଓ ଷଷ୍ଠୀ ପୂଜା, ସ୍ଥାନ: ଭୈରବେଶ୍ୱର ଶିବ ମନ୍ଦିର ବାଘଡାରୋଡ୍, ବାରିପଦା, ସମୟ: ସନ୍ଧ୍ୟା ୭ଟା।
- ବାସନ୍ତୀ ପୂଜା ଉପଲକ୍ଷେ ମହା ସପ୍ତମୀ ପୂଜା, ସ୍ଥାନ: ଚିତ୍ରଡ଼ା ଜଗନ୍ନାଥ ମନ୍ଦିର ପରିସର, ମୋରଡ଼ା, ସମୟ: ସନ୍ଧ୍ୟା ୭ଟା।
- ୭୨ତମ ବାସନ୍ତୀ ପୂଜାର ବିଲ୍ୱବରଣ, ସ୍ଥାନ: ଶୁନଗଡ଼ିଆ ବାରିପଦା, ସମୟ: ସନ୍ଧ୍ୟା ୭ଟା।

## ଜଗତସିଂହପୁର
- କର୍ପୋରେଟ ସଂସ୍ଥା, ପୋଲିସ ଓ ପାରାଦୀପ ବନ୍ଦର ମଧ୍ୟରେ ଚତୁର୍ଥ ବନ୍ଧୁତ୍ୱପୂର୍ଣ୍ଣ କ୍ରିକେଟ ମ୍ୟାଚ, ସ୍ଥାନ: ଗୋପବନ୍ଧୁ ଷ୍ଟାଡିୟମ, ନୂଆବଜାର, ପାରାଦୀପ, ସମୟ: ଅପରାହ୍ନ ୪ଟା।

## କେନ୍ଦ୍ରାପଡ଼ା
ଶ୍ରୀସଙ୍କଟମୋଚନ ହନୁମାନ ଦେବଙ୍କ ନବ କଳେବର ଓ ପ୍ରତିଷ୍ଠା ଉତ୍ସବ, ସାଧୁସନ୍ଥଙ୍କ ପ୍ରବଚନ ସଭା, ସ୍ଥାନ: ସଂସାରପେଟ, ରାଜନଗର, ସମୟ: ସନ୍ଧ୍ୟା ୬ଟା।
ଶ୍ରୀରାମଚରିତ ମାନସ ପାରାୟଣ ଓ ପ୍ରବଚନ ଜ୍ଞାନ ଯଜ୍ଞ, ସ୍ଥାନ: ହନୁମାନ ମନ୍ଦିର, ଗରାପୁର, କେନ୍ଦ୍ରାପଡ଼ା ସହର, ସମୟ: ସନ୍ଧ୍ୟା ୭ଟା।

## ଯାଜପୁର
- ଧର୍ମଶାଳା ସବ୍‌ରେଜିଷ୍ଟ୍ରାର କାର୍ଯ୍ୟାଳୟରେ ବାଦିପାଲା, ସ୍ଥାନ: ଧର୍ମଶାଳା ସବ୍‌ରେଜିଷ୍ଟ୍ରାର ପାଲାମଣ୍ଡପ, ସମୟ: ସନ୍ଧ୍ୟା ୬ଟା।
- ଜୟ ମା' ସିଘାରଗୁଣୀଙ୍କ ୪ର୍ଥ ବାର୍ଷିକ ଯଜ୍ଞ ଉତ୍ସବ, ସ୍ଥାନ: ଧର୍ମଶାଳା ବ୍ଲକର ସିଘାରସାହି, ସମୟ: ସକାଳ ୬ଟା।
- ଜିଲା ପ୍ରଶାସନ ପକ୍ଷରୁ ଆମ ପୋଷାକ, ଆମ ପରିଚୟ କାର୍ଯ୍ୟକ୍ରମ, ସ୍ଥାନ: ଯାଜପୁର ଜିଲାର ସମସ୍ତ ଅଞ୍ଚଳ, ସମୟ: ପୂର୍ବାହ୍ନ ୧୦ଟା।

## ନୟାଗଡ଼
- ୨ୟ ଚୈତ୍ରୋତ୍ସବେଙ୍କ ପୀଠରେ ଶକ୍ତି ଓ ଉପାସନାର ମହାପର୍ବ ନବରାତ୍ରିର ସପ୍ତମ ଦିବସରେ ଷଷ୍ଠୀ ପର୍ବ, ସ୍ଥାନ: ଓଡ଼ଗାଁ ବ୍ଲକର

ଜାମୁକୋଣ ପାହାଡ଼, ସମୟ: ସକାଳ ୮ଟା।
- ଦଶଦୋଳ ଯାତ୍ରାର ଉଦ୍‌ଯାପନ ଦିବସ, ସ୍ଥାନ: ରଣପୁର ବ୍ଲକର ଚାନ୍ଦପୁର ଦଶଦୋଳ ପଡ଼ିଆ, ସମୟ: ଅପରାହ୍ନ ୪ଟା।
- ୨ୟ ଅଯୋଧ୍ୟାରେ ଶ୍ରୀରାମ ଜନ୍ମୋତ୍ସବ, ନବାହ୍ନ ପାରାୟଣର ଷଷ୍ଠ ଦିବସ, ସ୍ଥାନ: ଭାପୁର ବ୍ଲକର ଫତେଗଡ଼ ପୁରୁଷୋତ୍ତମ ପ୍ରଭୁ ଶ୍ରୀରାମ ମନ୍ଦିର, ସମୟ: ପୂର୍ବାହ୍ନ ୯ଟା।
- ୨ୟ ଅଯୋଧ୍ୟାରେ ଶ୍ରୀରାମ ଜନ୍ମୋତ୍ସବ ଓ ନବାହ୍ନ ପାରାୟଣ ଅବସରରେ ପ୍ରବଚନରେ ଶ୍ରୀରାମ ଓ ଭରତଙ୍କ ମିଳନ, ଜାନକୀ ହରଣ, ଜଟାୟୁ ମୋକ୍ଷ, ସ୍ଥାନ: ଭାପୁର ବ୍ଲକର ଫତେଗଡ଼ ପୁରୁଷୋତ୍ତମ ପ୍ରଭୁ ଶ୍ରୀରାମ ମନ୍ଦିର, ସମୟ: ସନ୍ଧ୍ୟା ୬ଟା।
- ୧୫ ଦିନିଆ ଦଣ୍ଡପର୍ବର ପଞ୍ଚମ ଦିବସ, ସ୍ଥାନ: ଖଣ୍ଡପଡ଼ା ବ୍ଲକର କୁଞ୍ଜାରପଡ଼ା, ସମୟ: ଅପରାହ୍ନ ୨ଟା।
- ୧୫ ଦିନିଆ ଦଣ୍ଡପର୍ବର ପଞ୍ଚମ ଦିବସ, ସ୍ଥାନ: ଖଣ୍ଡପଡ଼ା ବ୍ଲକର ସିଙ୍ଘମୁଲା, ସମୟ: ଅପରାହ୍ନ ୨ଟା।
- ୧୫ ଦିନିଆ ଦଣ୍ଡପର୍ବର ପଞ୍ଚମ ଦିବସ, ସ୍ଥାନ: ଖଣ୍ଡପଡ଼ା ବ୍ଲକର ରଉତ ଡ଼ୋଳମରା, ସମୟ: ଅପରାହ୍ନ ୨ଟା।

## ରାୟଗଡ଼ା
- ଓଡ଼ିଆ ପକ୍ଷ ପାଳନ ଅବସରରେ ବୈଠକ, ସ୍ଥାନ: ଚିନ୍ତନ କକ୍ଷ, ରାୟଗଡ଼ା, ସମୟ: ପୂର୍ବାହ୍ନ ୧୦ଟା ୩୦।
- ମା' ଠାକୁରାଣୀଙ୍କ ଘଟ ପର୍ବ ନିମନ୍ତେ ଶୁଭଖୁଣ୍ଟି ସ୍ଥାପନ, ସ୍ଥାନ: ଗୁଡାରି ଜଗନ୍ନାଥ ମନ୍ଦିର ପରିସର, ସମୟ: ପୂର୍ବାହ୍ନ ୧୦ଟା ୪୫।
- ଓଡ଼ିଆ ପକ୍ଷ ପାଳନ ଅବସରରେ ପାରମ୍ପରିକ ପୋଷାକ ପରିଧାନ ସହ ଫଟୋ ସେଲଫି କାର୍ଯ୍ୟକ୍ରମ, ସ୍ଥାନ: ଜିଲା ସଂସ୍କୃତି ଭବନ, ରାୟଗଡ଼ା, ସମୟ: ପୂର୍ବାହ୍ନ ୧୧ଟା।

## ନବରଙ୍ଗପୁର
- ଠାକୁରାଣୀ ମନ୍ଦିର ପ୍ରତିଷ୍ଠା, ସ୍ଥାନ: ଝରିଗାଁ ବ୍ଲକ ଜେଲଗାଁ, ସମୟ: ସକାଳ ୭ଟା।
- ବାର୍ଷିକ ଉତ୍ସବ, ସ୍ଥାନ: ଝରିଗାଁ ବ୍ଲକ ଚଚା ଏସ୍‌ଏସ୍‌ଡି ବାଳିକା ଉଚ୍ଚ ବିଦ୍ୟାଳୟ, ସମୟ: ସନ୍ଧ୍ୟା ୫ଟା।

## ମାଲକାନଗିରି
- ମାଲକାନଗିରି ବନାଞ୍ଚଳ ପକ୍ଷରୁ ପ୍ରକୃତି ପରିବେଶ କର୍ମଶାଳା, ସ୍ଥାନ: ସତୀଗୁଡା ପର୍ଯ୍ୟଟନସ୍ଥଳୀ, ସମୟ: ପୂର୍ବାହ୍ନ ୧୦ଟା।

## ସମ୍ବଲପୁର
- ଯୋଗ ପରିବାର ପକ୍ଷରୁ ନିଃଶୁଳ୍କ ଯୋଗ

ଶିବିର, ସ୍ଥାନ: ଗାନ୍ଧୀ ପାର୍କ, ସମୟ: ସକାଳ: ୬ଟା।
- ମା' ଗଙ୍ଗୀ ମନ୍ଦିର କମିଟି ଆୟୋଜନରେ ଚଣ୍ଡିପାଠ ନବ ପତ୍ରିକା ଆନୟନ କାର୍ଯ୍ୟକ୍ରମ, ସ୍ଥାନ: ଭୁତାପଡା ସ୍ଥିତ ମନ୍ଦିର ପରିସର, ସମୟ ସକାଳ ୮ଟା।
- ବାସନ୍ତିକ ରାତ୍ର ଉପଲକ୍ଷେ ମାନସିକ ଦୀପ ପ୍ରଜ୍ୱଳନ, ସମଲେଇ ମନ୍ଦିର, ସମୟ: ସକାଳ ୮ଟା।
- ଓଡ଼ିଶା ସମୀକ୍ଷା ବୈଠକ, ସ୍ଥାନ: ଆଇଜି କାର୍ଯ୍ୟାଳୟ ସ୍ଥିତ ପ୍ରେକ୍ଷାଳୟ, ସମୟ: ପୂର୍ବାହ୍ନ ୧୦ଟା।
- ଭୀମ ଆର୍ମିର ପକ୍ଷରୁ ଆମ୍ବେଦକର ଜୟନ୍ତୀ ସକାଶେ ପ୍ରସ୍ତୁତି ବୈଠକ, ସ୍ଥାନ: ସାମ୍ବଦିକ ଭବନ, ସମୟ: ସନ୍ଧ୍ୟା ୫ଟା।

## ରାଉରକେଲା
- ବିଶ୍ୱଶାନ୍ତି ମହାଯଜ୍ଞ ଉଦ୍‌ଘାଟିତ, ସ୍ଥାନ: ରାଧାନାଥ ନଗର, ସେକ୍ଟର-୧୬ ଦୁର୍ଗାପୂଜା ପଡ଼ିଆ, ସମୟ: ସକାଳ ୧୦ଟା।
- ଆରଏମ୍‌ସି ପ୍ରେକ୍ଷାଳୟରେ ଖବରଦାତା ସମ୍ମିଳନୀ, ସ୍ଥାନ: ଉଦିତନଗର, ଆରଏମ୍‌ସି କକ୍ଷ, ସମୟ: ପୂର୍ବାହ୍ନ ୧୧ଟା ୪୫।
- ଆର୍‌ଏମ୍‌ସି କମିଶନର ଆହୂତ ଖବରଦାତା ସମ୍ମିଳନୀ, ସ୍ଥାନ: ଉଦିତନଗର, ସମୟ: ପୂର୍ବାହ୍ନ ୧୧ଟା ୪୫।
- ଅପରାଧ ନିୟନ୍ତ୍ରଣ ପାଇଁ ଥାନାଧିକାରୀଙ୍କ ସହ ଆଲୋଚନା, ସ୍ଥାନ: ଝିରପାଣି ଥାନା, ସମୟ: ଅପରାହ୍ନ ୫ଟା।
- ଚଇତି ଛଟ୍ ପୂଜା, ସନ୍ଧ୍ୟା ଆରତୀ, ସ୍ଥାନ: କୋଏଲନଦୀ, ସମୟ: ସନ୍ଧ୍ୟା ୬ଟା।

## ବରଗଡ଼
- ସମଲେଶ୍ୱରୀଙ୍କ ବାସନ୍ତିକ ପୂଜନୋତ୍ସବ, ସ୍ଥାନ: ସମଲେଶ୍ୱରୀ ମନ୍ଦିର, ବରଗଡ଼, ସମୟ: ସକାଳ ୬ଟା।
- ବାସନ୍ତିକ ନବ ଦିନାତ୍ମକ ପୂଜା ମହୋତ୍ସବ, ସ୍ଥାନ: ଶ୍ୟାମାକାଳୀ ମନ୍ଦିର, ବରଗଡ଼, ସମୟ: ସକାଳ ୬ଟା।
- ବାସନ୍ତୀକ ନବରାତ୍ର ଦୁର୍ଗାପୂଜା, ସ୍ଥାନ: ଦୁର୍ଗା ମନ୍ଦିର ପରିସର, ସୋହେଲା।

## କଳାହାଣ୍ଡି
- ହସ୍ତତନ୍ତ ପାରମ୍ପରିକ ବସ୍ତ୍ର ପରିଧାନ କାର୍ଯ୍ୟକ୍ରମ, ସ୍ଥାନ: ଭବାନୀପାଟଣା ଜିଲାପାଳଙ୍କ ଅଫିସ, ସମୟ: ପୂର୍ବାହ୍ନ ୧୦ଟା।
- ଜିଲାପାଳଙ୍କ ସମୀକ୍ଷା ବୈଠକ, ସ୍ଥାନ: ଭବାନୀପାଟଣା ଜିଲା ପରିଷଦ ସମ୍ମିଳନୀ କକ୍ଷ, ସମୟ: ପୂର୍ବାହ୍ନ ୧୧ଟା।

## ଦେବଗଡ଼
- ଶ୍ରୀସତ୍ୟ ସାଇ ମନ୍ଦିର ପକ୍ଷରୁ ନଗର କୀର୍ତ୍ତନ, ସ୍ଥାନ: ଦେବଗଡ଼ ସହର, ସମୟ: ପ୍ରାତଃ ୫ଟା।

- ବାସନ୍ତିକ ନବରାତ୍ର ପୂଜା, ସ୍ଥାନ: ଶନି ମନ୍ଦିର, ଗୋହରା ପୋଖରୀ ପାଖ, ସମୟ: ପୂର୍ବାହ୍ନ ୧୧ଟା।
- ମା' କନକ ଦୁର୍ଗାଙ୍କ ଚୈତ୍ର ନବରାତ୍ର ପୂଜା, ସ୍ଥାନ: କନକ ଦୁର୍ଗା ମନ୍ଦିର, ମଦଧାଡ଼, ସମୟ: ପୂର୍ବାହ୍ନ ୧୧ଟା।
- ଶ୍ରୀସତ୍ୟ ସାଇ ମନ୍ଦିର ପକ୍ଷରୁ ଭଜନ ଓ ଆଳତି, ସ୍ଥାନ: ଶ୍ରୀସତ୍ୟ ସାଇ ମନ୍ଦିର, ସମୟ: ସନ୍ଧ୍ୟା ୬ଟା।
- ମା' କନକ ଦୁର୍ଗାଙ୍କ ସନ୍ଧ୍ୟା ଆଳତି, ସ୍ଥାନ: ମଦଧାଡ଼, ମା' କନକ ଦୁର୍ଗା ମନ୍ଦିର, ସମୟ: ସନ୍ଧ୍ୟା ୭ଟା।
- ଶିରିଡ଼ି ସାଇ ମନ୍ଦିର କମିଟି ପକ୍ଷରୁ ଖିରି ଭୋଗ ବଣ୍ଟନ, ସ୍ଥାନ: ଶିରିଡ଼ି ସାଇ ମନ୍ଦିର, ପ୍ରଧାନପାଟ, ସମୟ: ସନ୍ଧ୍ୟା ୭ଟା ୩୦।

## ସୁବର୍ଣ୍ଣପୁର
- ବିନିକାରେ ବାସନ୍ତିକ ପୂଜା ଅବସରରେ ପାରାୟଣର ପଞ୍ଚମ ଦିବସ, ସ୍ଥାନ: ପୁରୁଣା ବସଷ୍ଟାଣ୍ଡ ସ୍ଥିତ ଦୁର୍ଗା ମନ୍ଦିର, ସମୟ: ସନ୍ଧ୍ୟା ୬ଟା।

## ନୂଆପଡ଼ା
- ମାରାଗୁଡ଼ା ଲୋକ ମହୋତ୍ସବ ତୃତୀୟ ସନ୍ଧ୍ୟା, ସ୍ଥାନ: ସ୍ଥାନୀୟ ମିନି ଷ୍ଟାଡିୟମ ନୂଆପଡ଼ା, ସମୟ: ସନ୍ଧ୍ୟା ୭ଟା।
- ରାଜ୍ୟସ୍ତରୀୟ ପଲ୍ଲିଶ୍ରୀ ମେଳା ତୃତୀୟ ଦିବସ, ସ୍ଥାନ: ମିନି ଷ୍ଟାଡିୟମ ନୂଆପଡ଼ା, ସମୟ: ପୂର୍ବାହ୍ନ ୧୦ଟାରୁ ରାତି ୧୦ଟା ୩୦।
- ଷୋଳପ୍ରହର ଅଖଣ୍ଡ ନାମଯଜ୍ଞ ନାମଧାରଣ ଓ ଆଳତି, ସ୍ଥାନ: କୋମନା ବ୍ଲକ କୁକୁରୁପ୍ରି ପଞ୍ଚାୟତ ଲଟନପଡା ଗାଁ, ସମୟ: ପ୍ରାତଃ ୪ଟା ୩୦।
- ଡରବୋଡ଼ ପ୍ରିମିୟର ଲିଗ ଫୁଟ୍‌ବଲ କ୍ରିକେଟ ମ୍ୟାଚ ପ୍ରସ୍ତୁତି ବୈଠକ, ସ୍ଥାନ: କୋମନା ବ୍ଲକ ଡରବୋଡ ରାଜୀବ ଗାନ୍ଧୀ ମିନି ଷ୍ଟାଡିୟମ, ସମୟ: ସନ୍ଧ୍ୟା ୬ଟା ୩୦।
- ଷୋଳପ୍ରହର ଅଖଣ୍ଡ ନାମଯଜ୍ଞ ନାମ ଧାରଣ, ସ୍ଥାନ: ଖଡିଆଳ ବ୍ଲକ ରାଣିପୁର ଗାଁ, ସମୟ: ସକାଳ ୮ଟା।
- ଷୋଳପ୍ରହର ଅଖଣ୍ଡ ନାମଯଜ୍ଞ ଉପଲକ୍ଷେ କଳସ ଶୋଭାଯାତ୍ରା, ସ୍ଥାନ: କୋମନା ବ୍ଲକ ସିଆଲଡିହି ଗାଁ, ସମୟ: ପୂର୍ବାହ୍ନ ୧୦ଟା ୪୦।

## ଝାରସୁଗୁଡ଼ା
- ଚଣ୍ଡୀପାଠ ଓ ଷୋଳ ଉପଚାର ପୂଜା, ସ୍ଥାନ: ବେହେରାମାଲ ଦୁର୍ଗା ମନ୍ଦିର, ସମୟ: ସକାଳ ୭ଟା।
- ଅଂଶୁଘାତ ଜନିତ ସଚେତନତା ସଭା, ସ୍ଥାନ: ଘିଚାମୁରା କଲ୍ୟାଣ ମଣ୍ଡପ, ସମୟ: ପୂର୍ବାହ୍ନ ୧୦ଟା।
- ରାମାୟଣ ପାଠ, ସ୍ଥାନ: କୁମର କଲ୍ୟାଣ ମଣ୍ଡପ, ସମୟ: ପୂର୍ବାହ୍ନ ୧୧ଟା।

# ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାଦୁଆ, ଗଞ୍ଜାମ
Email-pkmahapatro@gmail.com

**ମେଷ**: ଆଜି ଭ୍ରାତୃସମ୍ପର୍କ, ଯୋଗନାରଣ, ବାଣିଜ୍ୟ ଏବଂ ବିବାଦରେ ବ୍ୟତିକ୍ରମର ଆଶଙ୍କା ରହିଛି। କେତେକ ଅସହିଷ୍ଣୁ ମନୋଭାବର ବନ୍ଧୁଙ୍କ ଅସମ୍ମାନଜନକ କଥାରୁ କଳହ ଲାଗିପାରେ। କର୍ମକ୍ଷେତ୍ରରେ ନିଜ ସଂସ୍ପର୍ଶରେ ଆସୁଥିବା ବ୍ୟକ୍ତିମାନଙ୍କୁ ଆପଣେଇ ନେଇପାରିବେ। ବନ୍ଧୁଙ୍କ ପରାମର୍ଶରେ ଧର୍ମାନୁଷ୍ଠାନ ଦିଗରୁ ପ୍ରେରଣା ଲାଭ କରିପାରିବେ।

**ବୃଷ**: ଆଜି ଶାରୀରିକ, ମାନସିକ ଏବଂ ଆର୍ଥିକ ଦିଗରେ ବାଧା ବିଘ୍ନ ଉପୁଜିପାରେ। ସୁଯୋଗ ଛାଏଁ ଆସିଲେ ମଧ୍ୟ ଠିକ୍ ଉପଯୋଗ ଅଭାବରୁ ବିଫିଯାଇପାରେ। ଅବଶ୍ୟ ସମାଧାନର ରାସ୍ତା ପାଇବେ, ସାହାଯ୍ୟ, ସହଯୋଗ ମଧ୍ୟ କିଛି କମ୍ ହେବନାହିଁ। କର୍ମାରମ୍ଭ, ଯାତ୍ରା, ବନ୍ଧୁ ସମ୍ପର୍କ ସ୍ଥାପନ ଦିଗରେ ଅସୁବିଧା ନ ହୋଇପାରେ।

**ମିଥୁନ**: ଆପଣଙ୍କ ବୁଦ୍ଧିଯୁକ୍ତ ଓ ନିରପେକ୍ଷ ବିଚାରଧାରା ବହୁତ ପ୍ରଶଂସିତ ହେବ। ଶିକ୍ଷା, ପରୀକ୍ଷା, ସନ୍ତାନ, ଅର୍ଥନୈତିକ ସ୍ଥିତିର ସମୀକ୍ଷା ମନ୍ଦ ହେବନି। ବିଶ୍ୱାସଘାତକ କରୁଥିବା ବ୍ୟକ୍ତିଙ୍କଠାରୁ ଦୂରେଇ ନ ରହିଲେ ଅଶାନ୍ତ ପରିସ୍ଥିତି ଘଟିପାରେ। କଳା, ସାହିତ୍ୟ ଓ ସଙ୍ଗୀତ, ଆଧ୍ୟାତ୍ମିକ ପ୍ରବଚନ, ଯୋଗ ପ୍ରଭୃତିରେ ସୁନାମ ଅର୍ଜନ କରିବେ।

**କର୍କଟ**: ଅନୁକୂଳ ଗ୍ରହ ସମ୍ପର୍କରୁ ଯାହା ଚାହୁଁଛନ୍ତି କରି ଚାଲନ୍ତୁ ସଫଳତାର ସମ୍ଭାବନା ପୂର୍ଣ୍ଣମାତ୍ରାରେ ରହିଛି। ପାରସ୍ପରିକ ଉତ୍ତମ ବୁଝାମଣାଜନିତ ସହକର୍ମୀମାନଙ୍କ ସହ ସୁସମ୍ପର୍କ ରହିବ। ତର୍କବିତର୍କ କାରଣରୁ ପଡ଼ୋଶୀଙ୍କ ସହ ମତାନ୍ତର ସୃଷ୍ଟି ହୋଇ ଅଶାନ୍ତି ଉପୁଜିପାରେ।

**ସିଂହ**: ସହଜରେ ମୁଣ୍ଡ ନୁଆଁଇବାର ଗୁଣର ଅଭାବ ଯୋଗୁ ପଦସ୍ଥବ୍ୟକ୍ତିଙ୍କ ରୋଷର କାରଣ ହେବେ। ସମୟ ସୁବିଧାକୁ ନେଇ ବନ୍ଧୁଙ୍କ ସହ ପରାମର୍ଶ କଲେ ସାହାଯ୍ୟ ପାଇପାରିବେ। ନିଜ ଲୋକଙ୍କଠାରୁ ଯାହା ଓ ଯେତିକି ପରିମାଣରେ ପାଇବା କଥା ତାହା ପାଇବା କଷ୍ଟକର ହେବ। ଜମିଜମା, ଆଲୋଚନା, ସଭାସମିତିରେ ବ୍ୟସ୍ତତା ବୃଦ୍ଧି ପାଇବ।

**କନ୍ୟା**: କେତୁଙ୍କ କୁପ୍ରଭାବରେ ଅଧିକାଂଶ ସମୟ ମାନସିକ ଅସ୍ଥିରତା ମଧ୍ୟରେ ଗତି କରିପାରନ୍ତି। ଅର୍ଥର ଅଭାବକୁ ଭଲ ସମ୍ପର୍କ ରହିଥିବା ପଡ଼ୋଶୀମାନେ ଦୂର କରିପାରିବେ। ଯାହା କରିବା କଥା ଶୀଘ୍ର ଶେଷ ନ କଲେ ପରଷରରେ ସମସ୍ତ ପରିସ୍ଥିତି ବଦଳିଯାଇପାରେ। ଆମଦାନୀ ବାଣିଜ୍ୟ, ବ୍ୟବସାୟ ଓ ପରିବହନରେ ଉନ୍ନତି ଘଟିବ।

**ତୁଳା**: ଆଜି ଯାହା କରନ୍ତୁ କାର୍ଯ୍ୟ ପରିବାରରୁ ପୂର୍ଣ୍ଣ ସହଯୋଗ ପାଇବେ। ଆଜି ଯାହାକୁ ଯାହା କହିଲେ ସେହି ବ୍ୟକ୍ତି ଆପଣଙ୍କ କଥା ରକ୍ଷା କରିବାର ପ୍ରତିଶ୍ରୁତି ନିଶ୍ଚିତ ଦେବେ। ଆନୁଷ୍ଠାନିକ କ୍ଷେତ୍ରରେ, ସଭା ସମିତିରେ, କଚେରି ମାମଲାରେ ସଫଳତା ହାସଲ କରିବେ। କେତେକ କ୍ଷେତ୍ରରେ ଅନ୍ୟମାନଙ୍କ ଉପରେ ନିର୍ଭରଶୀଳ ହୋଇପାରନ୍ତି।

**ବିଛା**: ଅର୍ଥର ସଦ୍‌ବିନିଯୋଗ କରି କର୍ମାରମ୍ଭ ପାଇଁ ଯୋଜନା କରିପାରନ୍ତି। ଅନୁକୂଳଗ୍ରହ ସ୍ଥିତିରୁ ପାରିବାରିକ ସ୍ଥିତିରେ ଉନ୍ନତି ହୋଇପାରେ। ଶିଳ୍ପ, ବାଣିଜ୍ୟ, ବ୍ୟବସାୟ ଓ ପରିବହନରେ ସମସ୍ୟା ଲାଗିରହିବା ଯୋଗୁ ବ୍ୟସ୍ତ ହେବେ। ବିଶିଷ୍ଟବ୍ୟକ୍ତିଙ୍କ ସାନ୍ନିଧ, ଆର୍ଥିକ ଉନ୍ନତି, ଆଧ୍ୟାତ୍ମିକତା, ତୀର୍ଥାଟନର ସୁଯୋଗ ପାଇପାରିବେ।

**ଧନୁ**: ଟିକିଏ ଟିକିଏ କଥାରେ ରାଗିଯିବାର ଶିଳଶ ମାନସିକ ଅଶାନ୍ତିର କାରଣ ସାଜିପାରେ। ଯେତିକି ପାଉଛନ୍ତି, ସେତିକିରେ ସନ୍ତୁଷ୍ଟ ରହିବା ଭଲ। ସଭାସମିତିରେ ଅନ୍ୟମାନଙ୍କ ମତକୁ ସମ୍ମାନ ଦେଲେ ସଫଳତା ପାଇବେ। ସଂଗଠନ, ରାଜନୀତି ଓ ଆଲୋଚନା ପରିସରରେ ଦୃଢ଼ ପୃଷ୍ଠପୋଷକତା ଯୋଗୁ ଆଗେଇ ଯିବେ।

**ମକର**: ଅତୀତର କୌଣସି ଘଟଣାକୁ ନେଇ ଆଜମନା ହେବାର ସୂଚନା ରହିଛି। ପଡ଼ୋଶୀ କିମ୍ବା ସହକର୍ମୀ ଫାଇଦା ହାସଲ ସକାଶେ ନିଜର ଭଳି ବ୍ୟବହାର କରିପାରନ୍ତି। ଯେତେ ପ୍ରକାରର କାମ କଲେ ମଧ୍ୟ ପ୍ରତିଦ୍ୱନ୍ଦ୍ୱ ଯୋଗୁ ପ୍ରଗତିରେ ଅଗ୍ରଗତି ହୋଇ ପାରିବ ନାହିଁ। ପ୍ରତ୍ୟେକ ସମସ୍ୟା ସମାଧାନର ରାସ୍ତା ଖୋଜିବାରେ ସମର୍ଥ ହେବେ।

**କୁମ୍ଭ**: ଅପ୍ରିୟସତ୍ୟ କଥା କହି କେତେକ କ୍ଷେତ୍ରରେ ପ୍ରବଳ ବିରୋଧର ସମ୍ମୁଖୀନ ହେବାକୁ ପଡ଼ିପାରେ। ପିଲାମାନଙ୍କ ସମସ୍ୟା ନେଇ ମନ ଭାରାକ୍ରାନ୍ତ ରହିବ। ପାରିବାରିକ କ୍ଷେତ୍ର ବୁଝାମଣାରେ ଶୃଙ୍ଖଳିତ ହେବାର ସମ୍ଭାବନା ରହିଛି। ଯାତ୍ରାରେ ସାମାନ୍ୟ ବିଘ୍ନ ଆସିଲେ ମଧ୍ୟ କିଛି ଅସୁବିଧା ହେବ ନାହିଁ।

**ମୀନ**: ବୈଦିକ ଅଗ୍ରସ୍ତତା ସାଙ୍ଗକୁ ବାରୟର ବିଫଳତାରୁ ମନରେ କ୍ଷୋଭ ଉତ୍ପନ୍ନ ହୋଇପାରେ। ଶିଳ୍ପ, ବାଣିଜ୍ୟ, ପରିବହନ, ଆନୁଷ୍ଠାନିକ କାମ ଓ ସଭା ସମିତି ପ୍ରଭୃତିକ କ୍ଷେତ୍ରରେ ସଫଳତା ପାଇପାରିବେ। ଅନ୍ୟଦ୍ୱାରା ପ୍ରଭାବିତ ହୋଇ ପରକ୍ଷାରରେ ପଡି ନିଜ ଲୋକଙ୍କୁ ଭୁଲ ବୁଝିପାରନ୍ତି। ସାହିତ୍ୟ, କ୍ରୀଡ଼ା ଓ ପ୍ରତିଦ୍ୱନ୍ଦ୍ୱିତାରେ ସଫଳତା ଅର୍ଜନ କରିବେ।

ଆଜି ଏପ୍ରିଲ ୩ ତାରିଖ, ଚୈତ୍ର ଶୁକ୍ଳ ଷଷ୍ଠୀ ଗୁରୁବାର। ଶ୍ରୀମନ୍ଦିର ବେଢ଼ା ସ୍ଥିତ ଶ୍ରୀଷଷ୍ଠୀଦେବୀଙ୍କ ଚୈତ୍ର ଗୁଣ୍ଡିଚା ଯାତ୍ରା, ରାଶିନକ୍ଷତ୍ର-ସକାଳ ଘ.୦୭.୦୨ ମି. ଗତେ ମୃଗଶିରା/ବୃଷ, ଷଷ୍ଠୀର ଏକୋଦ୍ଦିଷ୍ଟ ଓ ପାର୍ବଣ ଶ୍ରାଦ୍ଧ। ସକାଳ ଘ.୦୫.୪୨ ଗତେ ଘ.୦୭.୨୦ମଧ୍ୟ, ଘ.୧୦.୩୬ ଗତେ ଘ.୦୧.୦୩ ମଧ୍ୟେ ଶୁଦ୍ଧ ଶୁଭ ବେଳା। ଅପରାହ୍ନ ଘ.୦୧.୨୨ ଗତେ ଘ.୦୨.୫୩ ମଧ୍ୟେ ରାହୁକାଳ।

ପ୍ରଥମ ପୃଷ୍ଠାରୁ...

## ୱାକ୍‌ଫ ସଂଶୋଧନ ...

ପ୍ରସ୍ତୁତ କରାଯାଇ ଉପସ୍ଥାପନ କରାଯାଇଛି। ଏହି ବିଲ୍‌ରେ ଧର୍ମର କୌଣସି ସମ୍ପର୍କ ନାହିଁ। ବିଧେୟକ କେବଳ ସମ୍ପତ୍ତିର ପରିଚାଳନା ସମ୍ପର୍କିତ। ରିଜିଜୁ ଆହୁରି କହିଥିଲେ, ସରକାର କୌଣସି ଧର୍ମୀୟ ଅନୁଷ୍ଠାନରେ ହସ୍ତକ୍ଷେପ କରିବାକୁ ଯାଉନାହାନ୍ତି। ଉପା ସରକାର ୱାକ୍‌ଫ ଆଇନରେ ଆଣିଥିବା ସଂଶୋଧନ ଏହାକୁ ଅନ୍ୟ ଆଇନଗୁଡ଼ିକ ଉପରେ ଆଧିପତ୍ୟ ବିସ୍ତାର ସକାଶେ ପ୍ରଭାଶାଳୀ କରିଦେଇଥିଲା। ତେଣୁ ନୂଆ ସଂଶୋଧନର ଆବଶ୍ୟକତା ପଡ଼ିଥିବା ସେ କହିଥିଲେ। ବିରୋଧୀ ସଦସ୍ୟମାନେ ହୋହଲ୍ଲା କରୁଥିବାବେଳେ ରିଜିଜୁ କହିଥିଲେ, ଆପଣମାନେ ଏହି ପ୍ରସଙ୍ଗରେ ଲୋକଙ୍କୁ ବିଲ୍‌ରେ ଯେଉଁ ବିଷୟଗୁଡ଼ିକ ନାହିଁ, ସେକଥା କହି ବିଭ୍ରାନ୍ତ କରିବାକୁ ଉଦ୍ୟମ କରିଛନ୍ତି। ଜେପିସିର ବିଚାରବିମର୍ଶ ଭାରତୀୟ ଗଣତାନ୍ତ୍ରିକ ଇତିହାସରେ କୌଣସି ସଂସଦୀୟ ପ୍ୟାନେଲ ଦ୍ୱାରା କରାଯାଇଥିବା ସବୁଠୁ ବଡ଼ ପ୍ରକ୍ରିୟା। ୯୭.୨୭ ଲକ୍ଷ ପିଟିସନ ଓ ସ୍ମାରକପତ୍ର ଜେପିସିର ବିଚାରାଧୀନ ହୋଇଥିଲା। ହାତକୁ ହାତ ଓ ଅନ୍‌ଲାଇନ୍ ମାଧ୍ୟମରେ ଗ୍ରହୀତ ଏହି ଦସ୍ତାବିଜଗୁଡ଼ିକୁ ଗ୍ରହଣ କରିବା ପରେ ଜେପିସି ଚୂଡାନ୍ତ ରିପୋର୍ଟ ପ୍ରସ୍ତୁତ କରିବା ପୂର୍ବରୁ ସେସବୁକୁ ପୁଙ୍ଖାନୁପୁଙ୍ଖ ଅନୁଧ୍ୟାନ କରିଥିଲା। ୨୮୪ ପ୍ରତିନିଧି ଦଳ ବିଲ୍ ଉପରେ ନିଜ ମତାମତ ବାଖ୍ୟା କରିଥିଲେ। ଏତଦ୍‌ବ୍ୟତୀତ ୨୫ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳର ୱାକ୍‌ଫ ବୋର୍ଡ ମଧ୍ୟ ଏହା ଉପରେ ମତ ରଖିଥିଲେ। ଆଇନଜ୍ଞ, ଦାତବ୍ୟ ସଂସ୍ଥା, ଶିକ୍ଷାବିତ୍ ଓ ଆଧ୍ୟାତ୍ମିକ ଗୁରୁଙ୍କ ମତାମତ ମଧ୍ୟ ବିଚାରକୁ ନିଆଯାଇଥିଲା।

ରେଳ ମନ୍ତ୍ରାଳୟ ଓ ପ୍ରତିରକ୍ଷା ମନ୍ତ୍ରାଳୟ ପରେ ୱାକ୍‌ଫ ହେଉଛି ଦେଶରେ ସର୍ବାଧିକ ସମ୍ପତ୍ତିର ନିୟନ୍ତ୍ରଣକାରୀ। ଏହି ୨ ମନ୍ତ୍ରାଳୟର ସମ୍ପତ୍ତି ରାଷ୍ଟ୍ରର । କିନ୍ତୁ ୱାକ୍‌ଫ ସମ୍ପତ୍ତି ଘରୋଇ। ଏହାକୁ ରେଲୱେ ଓ ସଶସ୍ତ୍ର ବଳର ଲ୍ୟାଣ୍ଡ ବ୍ୟାଙ୍କ ସହ ତୁଳନା କରିବା ଅନୁଚିତ୍। ଦୀର୍ଘ ୭୦ ବର୍ଷ ଧରି ଭୋଟବ୍ୟାଙ୍କ ରାଜନୀତି ପାଇଁ ସାଧାରଣ ମୁସଲମାନମାନଙ୍କୁ ବିଭ୍ରାନ୍ତ କରାଯାଇଥିଲା। ଏଥିରୁ କୌଣସି ଗରିବ ଓ ବଞ୍ଚିତ ବର୍ଗର ମୁସଲମାନ ଲାଭବାନ୍ ହୋଇନାହାନ୍ତି। ଏହି ସମ୍ପତ୍ତିକୁ ସାଧାରଣ ମୁସଲମାନଙ୍କ କଲ୍ୟାଣ ପାଇଁ ବ୍ୟବହାର କରାଯିବ। ୨୦୦୪ରେ ୱାକ୍‌ଫର ୪.୯ ଲକ୍ଷ ସମ୍ପତ୍ତି ଥିବାବେଳେ ଆୟର ପରିମାଣ ୧୬୩ କୋଟି ଟଙ୍କା ରହିଥିଲା। ୨୦୧୩ରେ ଆୟ ମାତ୍ର ୩ କୋଟି ବଢ଼ି ୧୬୬ କୋଟି ଟଙ୍କାରେ ପହଞ୍ଚିଥିଲା। ବାସ୍ତବରେ ଏହି ଆୟ ଅନ୍ୟୁନ ୧୨,୦୦୦ କୋଟି ଟଙ୍କା ହେବା ଉଚିତ ବୋଲି ରିଜିଜୁ କହିଥିଲେ। ସେହିପରି ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ୍ ଶାହା ଓ ଭାଜପାର ବରିଷ୍ଠ ସଦସ୍ୟ ରବିଶଙ୍କର ପ୍ରସାଦ ମଧ୍ୟ ବିଲ୍ ସପକ୍ଷରେ ଯୁକ୍ତି ବାଢ଼ି ବିରୋଧୀଙ୍କୁ ଟାର୍ଗେଟ କରିଥିଲେ। ଲୋକ ସଭାରେ କଂଗ୍ରେସ ଉପନେତା ଗୌରବ ଗୋଗୋଇ କହିଥିଲେ, ୱାକ୍‌ଫ ବିଲ୍ ହେଉଛି ସମ୍ବିଧାନକୁ ଦୁର୍ବଳ କରିବା ପାଇଁ ଏକ ଉଦ୍ୟମ। ରିଜିଜୁ ନିଜ ଭାଷଣରେ ୨୦୧୩ ବେଳେ ଉପା ସରକାରଙ୍କ କାର୍ଯ୍ୟର ଅବତାରଣା କରିବା ସମୟରେ ଗୃହକୁ ବିଭ୍ରାନ୍ତ କରିଛନ୍ତି। ଅନ୍ୟପକ୍ଷେ ଭାଜପା ଏମ୍‌ପି ରବିଶଙ୍କର ପ୍ରସାଦ ୱାକ୍‌ଫକୁ ଏକ ବୈଧାନିକ ସଂସ୍ଥା ଭାବେ ଅଭିହିତ କରି ସାଧାରଣ ଲୋକଙ୍କ କଲ୍ୟାଣରେ ଏହାର ଅବଦାନ ଉପରେ ପ୍ରଶ୍ନ ଉଠାଇଥିଲେ। ୱାକ୍‌ଫ ସମ୍ପତ୍ତିରେ କେତୋଟି ସ୍କୁଲ ଓ ହସ୍ପିଟାଲ ନିର୍ମାଣ କରାଯାଇଛି? ମୁସଲମାନ ସମ୍ପ୍ରଦାୟର ସେବାରେ ଏହାର ଭୂମିକାକୁ ମଧ୍ୟ ସେ ଚ୍ୟାଲେଞ୍ଜ କରିଥିଲେ। ସମାଜବାଦୀ ପାର୍ଟି (ଏସ୍‌ପି) ମୁଖ୍ୟ ଅଖିଳେଶ ଯାଦବ ଏହାକୁ ମୁସଲମାନଙ୍କ ଅଧିକାର ଛଡ଼ାଇବା ପାଇଁ

ଉଦ୍ଦିଷ୍ଟ ବିଧେୟକ ରୂପେ ଅଭିହିତ କରିଥିବାବେଳେ ଅନ୍ୟ ବିରୋଧୀ ଦଳଗୁଡ଼ିକ ମଧ୍ୟ ବିଲ୍ ବିରୋଧରେ ସ୍ଲୋଗାନ ଦେଇ ହଙ୍ଗାମା କରିଥିଲେ। ଭାଜପାର ସହଯୋଗୀ ତଥା ବିହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ସଂଯୁକ୍ତ ଜନତା ଦଳ (ଜେଡ଼ିୟୁ) ଏହାକୁ ମୁସଲମାନମାନଙ୍କ ହିତରେ ଅଣାଯାଇଥିବା ଦର୍ଶାଇ ସମର୍ଥନ କରିଥିଲା। ଅନ୍ୟତମ ଗୁରୁତ୍ୱପୂର୍ଣ୍ଣ ସହଯୋଗୀ ତଥା ଆନ୍ଧ୍ରପ୍ରଦେଶ ମୁଖ୍ୟମନ୍ତ୍ରୀ ଏନ୍. ଚନ୍ଦ୍ରବାବୁ ନାଇଡୁଙ୍କ ନେତୃତ୍ୱାଧୀନ ତେଲୁଗୁ ଦେଶମ୍ ପାର୍ଟି (ଟିଡିପି) ରାଜ୍ୟଗୁଡ଼ିକୁ ୱାକ୍‌ଫ ବୋର୍ଡ ଗଠନ ଅଧିକାର ପ୍ରଦାନ କରାଯାଉ ବୋଲି ଦାବି କରିଥିଲା। କିନ୍ତୁ ଜନତା ଦଳ (ବିଜେଡି)ର ଲୋକ ସଭାରେ କୌଣସି ସଦସ୍ୟ ନ ଥିବାବେଳେ ରାଜ୍ୟ ସଭାକୁ ବିଲ୍ ଗଲେ ଏହାକୁ ବିରୋଧ କରିବ ବୋଲି ଦଳ ପକ୍ଷରୁ କୁହାଯାଇଛି।

## ୮୬୪.୪୫ କୋଟିର ....

ଖଣିଜ ପଦାର୍ଥ। ଖଣିଗୁଡ଼ିକର ନିୟମାବଳୀ ଏବଂ ଲକ୍ଷ୍ୟ ଖଣିଜ ପଦାର୍ଥର ରାଜସ୍ୱ ମୂଲ୍ୟାଙ୍କନ ଏବଂ ସଂଗ୍ରହ ନିୟମ-୨୦୧୬ ଅନୁଯାୟୀ ପରିଚାଳିତ। ୩୧ ମାର୍ଚ୍ଚ ୨୦୨୨ ସୁଦ୍ଧା ଯାଞ୍ଚ ହୋଇଥିବା ୨୨ଟି ଡସ୍‌ସିଲରେ ୫୨୦ ଖଣିଜ ପଦାର୍ଥ ଉତ୍ସ ମଧ୍ୟରୁ ୧୪୭ ଉତ୍ସ କାର୍ଯ୍ୟକ୍ଷମ ଥିବାବେଳେ ୩୭୩ ଉତ୍ସ କାର୍ଯ୍ୟକ୍ଷମ ହୋଇ ନ ଥିଲା। ନିଲାମଧାରୀ ବ୍ୟବସାୟୀକରଣରେ ଅନିୟମିତତା ଯୋଗୁ ୬ କୋଟି ୨୧ ଲକ୍ଷ ଟଙ୍କା କ୍ଷତି ହୋଇଛି ବୋଲି ସେ କହିଛନ୍ତି। ଖଣି ଯୋଜନା ଅନୁମୋଦନ ହେବା ପରେ ଏବଂ ନିଲାମ ପ୍ରକ୍ରିୟା ଆରମ୍ଭ ହେବା ପୂର୍ବରୁ କଳେକ୍ଟର, ଗୁରୁଣ୍ଡିଆ ଓ ଜଗତସିଂହପୁର ତହସିଲଦାରମାନେ ପରିବେଶ ମଞ୍ଜୁରୀ ପାଇଁ ଆବେଦନ କରି ନ ଥିଲେ। ଫଳରେ ଚାଲୁ ରହିଥିବା ଲିଜ୍ ଅବଧିର ପରିସମାପ୍ତି ପୂର୍ବରୁ ନିଲାମ ପ୍ରକ୍ରିୟା ସମାପ୍ତ ହୋଇପାରି ନ ଥିଲା। ଏଥିଯୋଗୁ ରାଜ୍ୟ ସରକାରଙ୍କୁ ୨୦.୧୦ କୋଟି ଟଙ୍କାର ରାଜସ୍ୱ ହାନି ଘଟିଥିଲା। ସେହିପରି ଲିଜ୍‌ଧାରୀମାନଙ୍କଠାରୁ ବକେୟା ଖଣିଜ ଦେୟ ସୁଧ ସହ ୧୨.୨୮ ଲକ୍ଷ ଟଙ୍କା ଆଦାୟ ହୋଇ ନ ଥିବାବେଳେ ଲିଜ୍‌ଧାରୀମାନଙ୍କ ଲିଜ୍ ଡିଡ୍ କାର୍ଯ୍ୟକାରୀ ନ ଥିବା ପରିଲକ୍ଷିତ ହୋଇଛି, ଯେଉଁଥିପାଇଁ ଲିଜ୍‌ଧାରୀମାନେ ବେଆଇନ ଖଣି ଉତ୍ତୋଳନ ପାଇଁ ୪.୩୮ କୋଟି ଟଙ୍କା ମୂଲ୍ୟ ଦେବାକୁ ପଡ଼ିବ। ଏହାବ୍ୟତୀତ ଅନୁମୋଦିତ ଖଣି ଯୋଜନାଠାରୁ ଅଧିକ ଖଣିଜ ପଦାର୍ଥ ଖନନ ଏବଂ ପରିବହନ କରିବା ଦ୍ୱାରା 'ଓ୍ୱାଚ' ଫର୍ମର ଯାଞ୍ଚ ନ ହେବା ଯୋଗୁ ୮୦,୭୨୧.୪୦ ଘ.ମି. ପଥରର ବେଆଇନ ଉତ୍ତୋଳନ ହୋଇଛି, ଯେଉଁଥିପାଇଁ ଲିଜ୍‌ଧାରୀମାନଙ୍କୁ ୩୩.୫୦ କୋଟି ଟଙ୍କା ଦେବାକୁ ପଡ଼ିବ। ରାଜସ୍ୱ ବିଭାଗର ଉଦାସୀନତା ପାଇଁ ଯାଜପୁର ଜିଲା ଡଙ୍ଗରୀ କାଦାପଥର ପାହାଡ଼ରୁ ଅଧିକ ଖଣିଜ ପଥର ଉତ୍ତୋଳନ ହୋଇଛି। ହାଇକୋର୍ଟଙ୍କ ନିର୍ଦ୍ଦେଶ ମଧ୍ୟ ବିଭାଗର ଠିକଣା ଭାବେ ଅନୁପାଳନ ହୋଇନାହିଁ। ଫଳସ୍ୱରୂପ ୫୮.୬୩ କୋଟି ଟଙ୍କାର ଖଣିଜ ରାଜସ୍ୱ ଆଦାୟ ହୋଇପାରିନାହିଁ।

ଏହି ଅଡ଼ିଟ କହିଛନ୍ତି, ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ ଅନୁଯାୟୀ ଜଙ୍ଗଲ ଜମିର ଅଣଜଙ୍ଗଲ ଉପଯୋଗ ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଖଣି ଲିଜ୍‌ଧାରୀଙ୍କଠାରୁ ଅତୁଳ କରାଯାଇଥିବା ଅତିରିକ୍ତ ନେଟ୍ ପ୍ରେଜେଣ୍ଟ ମୂଲ୍ୟର ୫୦%ରେ ନିର୍ଦ୍ଦିଷ୍ଟ ଆଦିବାସୀ କଲ୍ୟାଣ ଏବଂ କ୍ଷେତ୍ର ବିକାଶ କାର୍ଯ୍ୟ କରାଯିବ। ଏହାକୁ ନେଇ ନିର୍ଦ୍ଦିଷ୍ଟ ଆଦିବାସୀ କଲ୍ୟାଣ ଏବଂ ଖଣିଜ ଧାରକ କ୍ଷେତ୍ର ବିକାଶ କାର୍ଯ୍ୟ ପାଇଁ ୨୦୧୪ ଡିସେମ୍ବର ୨ରେ ଓଡ଼ିଶା ଖଣିଜ ଧାରକ ଅଞ୍ଚଳ ଉନ୍ନୟନ ନିଗମ(ଓଏମ୍‌ବିଏଡ଼ିସି)

ପ୍ରତିଷ୍ଠା କରାଯାଇଥିଲା। ମାତ୍ର ଉପରୋକ୍ତ କାର୍ଯ୍ୟ ପାଇଁ ଓଏମ୍‌ବିଏଡିସି ଗ୍ରିଡର ପ୍ରଥମ ପର୍ଯ୍ୟାୟରେ ୮୬୯.୪୨କୋଟି ଟଙ୍କା ଦେଇଥିଲେ। ସୁପ୍ରିମକୋର୍ଟଙ୍କ ଆଦେଶ ଅନୁସାରେ, ଯେକୌଣସି ଲୌହ ବା ମାଙ୍ଗାନିଜ୍ ଧାତୁ ପରିବେଶ ପ୍ରଭାବ ଆକଳନ ବିଜ୍ଞପ୍ତି ୧୯୯୪ କିମ୍ବା ୨୦୦୬ ଅନୁପାଳନ ନ କରି ଉତ୍ତୋଳନ ହୋଇଥିଲେ ତାହା ବେଆଇନ ଖନନ ଭାବେ ଧରାଯିବ। ଏହି କ୍ରମରେ ୨୦୦୦-୦୧ରୁ ୨୦୧୨ ମାର୍ଚ୍ଚ ପୁଞ୍ଜା ଖଣିଜ ମୂଲ୍ୟର ଶତପ୍ରତିଶତ ଆଦାୟ କରାଯିବାକୁ ନିର୍ଦ୍ଦେଶ ରହିଛି। ଏହାକୁ ଦୃଷ୍ଟିରେ ରଖି ଖଣି ଲିଜ୍‌ଧାରୀମାନଙ୍କଠାରୁ କ୍ଷତିପୂରଣ ବାବଦରେ ଦ୍ୱିତୀୟ ପର୍ଯ୍ୟାୟରେ ୧୬ ହଜାର ୮୩୩.୫୪ କୋଟି ଟଙ୍କା ଆଦାୟ କରାଯାଇ ଓଏମ୍‌ବିଏଡିସି ପାଣ୍ଠିରେ ଜମା କରାଯାଇଥିଲା ବୋଲି ଅଡ଼ିଟ କହିଛନ୍ତି। ଖବରଦାତା ସମ୍ମିଳନୀରେ ଉପମହାଲେଖାକାର ଏସ୍. ଶୁଭମ ଚୈତନାଥ ଏବଂ ଏନ୍. ବାଲ୍କିଶ୍ନ ପ୍ରମୁଖ ଉପସ୍ଥିତ ଥିଲେ।

## ଓଡ଼ିଶା ଆଧାର...

ଦୃଷ୍ଟିକୁ ଆସିଥିବା କହିଛନ୍ତି। ଏନେଇ ସେ ଜିଲା ପ୍ରଶାସନର ଦୃଷ୍ଟି ଆକର୍ଷଣ କରିଛନ୍ତି। ଆଧାର କାର୍ଡରେ ଥିବା ତ୍ରୁଟିକୁ ସ୍ୱତନ୍ତ୍ର ଭାବେ କେନ୍ଦ୍ର ସରକାରଙ୍କ ଦୃଷ୍ଟିକୁ ନେଇ ସମାଧାନ କରିବାକୁ ଆଲୋଚନା ହୋଇଥିବା ସେ କହିଛନ୍ତି।

## ଯୁଦ୍ଧବିରତି ପାଇଁ ....

ଓ ସାଧାରଣ ଜନତାଙ୍କର ମଧ୍ୟ ମୃତ୍ୟୁ ଘଟୁଛି। ଗତ ୪ ମାସ ମଧ୍ୟରେ ପୋଲିସ-ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ଘଟି ସଙ୍ଗଠନର ବଡ ବଡ କ୍ୟାଡର ମାଓବାଦୀଙ୍କର ମୃତ୍ୟୁ ହୋଇଛି। ଗତ ୫ ଦିନ ତଳେ ମାଓବାଦୀ ନେତ୍ରୀ ତଥା ସମ୍ପାଦିକା ରେଣୁକା, ନେତା ବେଣ୍ଟୁ, ସୁଧାକର ଓ ଜଗଦୀଶ ଓରଫ୍ ବୁଦ୍ଧରାଙ୍କ ଭଳି ସଙ୍ଗଠନର ଟପ୍ କ୍ୟାଡର ମାଓବାଦୀମାନେ ପୋଲିସ ଗୁଳିରେ ଟଳି ପଡ଼ିଥିଲେ। ସେହିପରି ଆନ୍ଧ୍ର-ଓଡ଼ିଶା ସୀମାନ୍ତ ସଙ୍ଗଠନର ଟପ୍ କ୍ୟାଡର ନେତା ଚଲପତି ମଧ୍ୟ ପୋଲିସ ଗୁଳିରେ ଟଳି ପଡ଼ିଛନ୍ତି। ଫଳରେ ସଙ୍ଗଠନ ଦିନକୁ ଦିନ ଦୁର୍ବଳ ହେବାରେ ଲାଗିଛି। ଗତ ୩ ମାସ ମଧ୍ୟରେ ପ୍ରାୟ ୩୦୦ରୁ ଊର୍ଦ୍ଧ୍ୱ ମାଓବାଦୀ ପୋଲିସ ଗୁଳିରେ ନିହତ ହୋଇଥିବା ବେଳେ ଏହି ସମୟସୀମା ମଧ୍ୟରେ ପ୍ରାୟ ୨୦୦ରୁ ଊର୍ଦ୍ଧ୍ୱ ଗିରଫ ହୋଇଛନ୍ତି। ସେହିପରି ୪୦୦ରୁ ଊର୍ଦ୍ଧ୍ୱ ଆତ୍ମସମର୍ପଣ କରିଛନ୍ତି। ଫଳରେ ଦିନକୁ ଦିନ ସଙ୍ଗଠନ ଦୁର୍ବଳ ହେବାରେ ଲାଗିଛି। ତେବେ ଏହି ସମସ୍ତ ଘଟଣାକୁ ଦୃଷ୍ଟିରେ ରଖି ସଙ୍ଗଠନ ସରକାରଙ୍କ ସହ ଶାନ୍ତିବାର୍ତ୍ତା ନିମନ୍ତେ ଆହ୍ୱାନ ଦେଇଥିବା ବେଳେ ଯୁଦ୍ଧ ବିରତି ପାଇଁ ପ୍ରସ୍ତୁତ ଅଛି। ବିଶେଷ ସୂତ୍ରରୁ ଜଣାପଡ଼ିଛି, ସଙ୍ଗଠନ ତରଫରୁ କେତେକ ସର୍ତ୍ତ ରଖାଯାଇଛି। ଏଥିରେ ଅଧିକ ପୋଲିସ ମୁତୟନକୁ ହଟାଇବା, ବିଭିନ୍ନ ସ୍ଥାନରେ କ୍ୟାମ୍ପ ପ୍ରତିଷ୍ଠା ହୋଇଥିବା ବେଳେ ଏହି କ୍ୟାମ୍ପଗୁଡ଼ିକୁ ଉଚ୍ଛେଦ କରିବା ଆଦି ସର୍ତ୍ତ ରଖାଯାଇଥିବା ଜଣାପଡ଼ିଛି। ତେବେ ମାଓବାଦୀଙ୍କ ପ୍ରସ୍ତାବକୁ ସରକାର ରାଜି ଅଛନ୍ତି କି ନାହାନ୍ତି ସେ ସମ୍ପର୍କରେ ପ୍ରଥମେ କୌଣସି ବିଜ୍ଞପ୍ତି ବ୍ୟତୀତ ଏହା କୌଣସି ଅଡିଓ କିମ୍ବା ଗଣମାଧ୍ୟମକୁ ସୂଚନା ଦିଆଯାଇନାହିଁ।

## ଆରମ୍ଭ ହେଲା ପ୍ରାକ୍ ...

ପାଖରେ ପହଞ୍ଚିଥିଲେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ପିଲାମାନଙ୍କୁ ଦେଖି ତାଙ୍କ ଭିତରେ ଛପି ରହିଥିବା ଶିକ୍ଷକ ସ୍ୱରୂପ ପୁଣି ଥରେ ଫୁଟିଉଠିଥିଲା। ସେ ପିଲାମାନଙ୍କ ହାତ ଧରି ଚକ୍ ଖଡ଼ିରେ ବୃତ୍ତ କାଟି ଖଡ଼ିଛୁଆଁ କରାଇଥିଲେ। ତା'ପରେ ପ୍ରଥମ ଅକ୍ଷର ଭାବେ 'ମା' ଲେଖାଇ ଅକ୍ଷର

ଶିକ୍ଷା ଆରମ୍ଭ କରାଇଛନ୍ତି। ଶିକ୍ଷକତାରୁ ବୃତ୍ତିଗତ ଜୀବନ ଆରମ୍ଭ କରିଥିବା ମୁଖ୍ୟମନ୍ତ୍ରୀ ମାଝୀ ତାଙ୍କ ଶିକ୍ଷକତାର ଅଭିଜ୍ଞତାରୁ ପିଲାଙ୍କ ସହିତ ବାର୍ତ୍ତାଳାପ କରିଥିଲେ। ଖୁବ୍ ସହଜ ଭାବରେ ପିଲାଙ୍କ ମା'ଙ୍କ ନାଁ, ବାପାଙ୍କ ନାଁ, କ'ଣ ଖାଉଛ ଏମିତି କିଛି ପ୍ରଶ୍ନ ପଚାରି ସେମାନଙ୍କ ସହିତ ଭାବଗତ ସମ୍ପର୍କ ଯୋଡ଼ିଥିଲେ। ପିଲାମାନେ ମଧ୍ୟ ଖୁବ୍ ଉତ୍ସାହର ସହିତ ମୁଖ୍ୟମନ୍ତ୍ରୀଙ୍କ ସହିତ କଥା ହୋଇଥିଲେ। ଏହା ପରେ ମୁଖ୍ୟମନ୍ତ୍ରୀ ନବମ ଓ ଦଶମ ଶ୍ରେଣୀ ପିଲାମାନଙ୍କ ମଧ୍ୟାହ୍ନ ଭୋଜନ ପ୍ରଦାନ କରିଥିଲେ ଏବଂ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ-୨୦୨୫ ସଚେତନତା ରଥର ଶୁଭାରମ୍ଭ କରିଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀ ପିଲାମାନଙ୍କ ଶିକ୍ଷଣ ସାମଗ୍ରୀ କିଟ୍ ପ୍ରଦାନ କରିଛନ୍ତି। ସେହିପରି ସ୍କୁଲ ପରିସରରେ ଆୟୋଜିତ ସାକ୍ଷରତା ଶିକ୍ଷଣ ସାମଗ୍ରୀ ଷ୍ଟଲ, ସଂଖ୍ୟାଜ୍ଞାନ ଶିକ୍ଷଣ ସାମଗ୍ରୀ ଷ୍ଟଲ, ସ୍ୱକଳାମୂଳ ଶିକ୍ଷଣ ସାମଗ୍ରୀ ଷ୍ଟଲ ବୁଲି ଦେଖିବା ସହିତ ଶିଶୁ ବାଟିକା ପିଲାଙ୍କ ପଠନ ପ୍ରଣାଳୀ ଅନୁଧ୍ୟାନ କରିଛନ୍ତି।

ମୁଖ୍ୟମନ୍ତ୍ରୀ କହିଛନ୍ତି, ଛୋଟ ପିଲାଙ୍କ ମାନସିକତାକୁ ଦୃଷ୍ଟିରେ ରଖି ଏହି କାର୍ଯ୍ୟକ୍ରମ କରାଯାଇଛି। ଆଜି ପାଠପଢ଼ା ଆରମ୍ଭ ଦିନରେ ପିଲାମାନେ ବହୁତ ଖୁସି ଅଛନ୍ତି। ଏହି ଶିଶୁ ବାଟିକା ରାଜ୍ୟରେ ପ୍ରାଥମିକ ଶିକ୍ଷା କ୍ଷେତ୍ରକୁ ସୁଦୃଢ଼ କରିବ। ଆଗାମୀ ଦିନରେ ପିଲାମାନେ ଏକ ସୁନ୍ଦର ଓ ମନୋଜ୍ଞ ପରିବେଶରେ ପାଠ ପଢ଼ିବେ। ସୂଚନାଯୋଗ୍ୟ, ଜାତୀୟ ଶିକ୍ଷାନୀତି-୨୦୨୦ ଅଧୀନରେ ବୁଧବାରଠାରୁ ଶିଶୁ ବାଟିକା ବା ପ୍ରାକ୍ ପ୍ରାଥମିକ ଶ୍ରେଣୀ ଶିକ୍ଷା ଆରମ୍ଭ କରାଯାଇଛି। ୨୦୨୫-୨୬ ଶିକ୍ଷା ବର୍ଷରୁ ସବୁ ପ୍ରାଥମିକ ବିଦ୍ୟାଳୟରେ ଗୋଟିଏ ଲେଖାଏଁ ଶିଶୁବାଟିକା ଖୋଲାଯିବ। ଏହିସବୁ ଶିଶୁବାଟିକାରେ ୫ରୁ ୬ ବର୍ଷ ବୟସର ପିଲାମାନେ ପ୍ରାକ୍ ବିଦ୍ୟାଳୟ ଶିକ୍ଷା ଗ୍ରହଣ କରିବେ। ଶିଶୁବାଟିକାର ପିଲାମାନଙ୍କୁ ଶିକ୍ଷଣୀୟ ସାମଗ୍ରୀ କିଟ୍ ଯୋଗାଇ ଦିଆଯାଇ ମନୋରଞ୍ଜନଧର୍ମୀ ଶିକ୍ଷା ପ୍ରଦାନ କାର୍ଯ୍ୟକ୍ରମ କରାଯିବ। ଶିକ୍ଷା ପ୍ରତି ଆକୃଷ୍ଟ କରାଯିବ। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଏକାମ୍ର ଭୁବନେଶ୍ୱର ବିଧାୟକ ବାବୁ ସିଂହ, ଖୋର୍ଦ୍ଧା ବିଧାୟକ ପ୍ରଶାନ୍ତ ଜଗଦେବ, ଭୁବନେଶ୍ୱର ମେୟର ସୁଲୋଚନା ଦାସ, ସାମାଜିକ କର୍ମୀ ଜଗନ୍ନାଥ ପ୍ରଧାନ, ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର କମିଶନର ତଥା ଶାସନ ସଚିବ ଶାଳିନୀ ପଣ୍ଡିତ ଏବଂ ଓସେପାର ପ୍ରକଳ୍ପ ନିର୍ଦ୍ଦେଶିକା ଅନନ୍ୟା ଦାସ, ବିଦ୍ୟାଳୟର ଶିକ୍ଷୟିତ୍ରୀ, ଶିକ୍ଷକ, ଛାତ୍ରଛାତ୍ରୀ ଓ ଅନ୍ୟ ବରିଷ୍ଠ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ।

## ୫ ବର୍ଷରେ ବିଦ୍ୟୁତ୍ ...

ପ୍ରଶ୍ନର ଉତ୍ତରରେ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂଦେଓ ଗୃହକୁ ଦେଇଥିବା ତଥ୍ୟ ଅନୁଯାୟୀ, ଗତ ୫ ବର୍ଷରେ ବିଦ୍ୟୁତ୍ ସଂସ୍ପର୍ଶରେ ଆସି କେବଳ ପଶ୍ଚିମ ଓଡ଼ିଶାରେ ହିଁ ୧୭ଟି ହାତୀଙ୍କର ମୃତ୍ୟୁ ହୋଇଛି। ତଥ୍ୟ ଅନୁଯାୟୀ, ୨୦୨୪-୨୫ ବର୍ଷରେ ସର୍ବାଧିକ ୧୧ଟି ହାତୀ ମୃତ୍ୟୁବରଣ କରିଛନ୍ତି। ସେହିପରି ୨୦୨୩-୨୪ରେ ୭ଟି, ୨୦୨୨-୨୩ରେ ୧ଟି, ୨୦୨୧-୨୨ରେ ୨ଟି ଓ ୨୦୨୦-୨୧ରେ ଗୋଟିଏ ହାତୀର ମୃତ୍ୟୁ ହୋଇଛି। ସେହିପରି ଦକ୍ଷିଣ ଓଡ଼ିଶାରେ ବିଦ୍ୟୁତ୍ ସଂସ୍ପର୍ଶରେ ଆସି ଗୋଟିଏ ହାତୀ ଓ ୯୧ ଲୋକଙ୍କ ମୃତ୍ୟୁ ହୋଇଥିବାବେଳେ କେନ୍ଦ୍ରୀୟ ଓଡ଼ିଶାରେ ବିଦ୍ୟୁତ୍ ସଂସ୍ପର୍ଶରେ ଆସି ୧୬ ଜଣ ମୃତ୍ୟୁବରଣ କରିଛନ୍ତି। ସେହିପରି ଉତ୍ତର ଓଡ଼ିଶାରେ କରେଣ୍ଟ ଲାଗି ୯ ହାତୀଙ୍କ ମୃତ୍ୟୁ ହୋଇଛି ବୋଲି ଉପମୁଖ୍ୟମନ୍ତ୍ରୀ ସିଂଦେଓ ତଥ୍ୟ ରଖିଛନ୍ତି।




# ସାର, କୀଟନାଶକ ପାଇଁ ବଢୁଛି କର୍କଟ

ଭୁବନେଶ୍ୱର,୨।୪
(ରବିନାରାୟଣ ଜେନା)

■ ବଲାଙ୍ଗୀର ଓ ଅବିଭକ୍ତ ସମ୍ବଲପୁରରେ ରୋଗୀଙ୍କ ସଂଖ୍ୟା ବଢୁଛି : ଆଇନ ମନ୍ତ୍ରୀ
■ ଜୈବିକ ଚାଷକ୍ଷେତ୍ର ବୃଦ୍ଧି ପାଇଁ ସରକାର ପ୍ରତିଶ୍ରୁତିବଦ୍ଧ

ସମ୍ପ୍ରତି ଲୋକମାନେ ଅଧିକ ଫସଲ ଅମଳ ପାଇଁ ସାର ଓ କୀଟନାଶକ ବେଶିମାତ୍ରାରେ ବ୍ୟବହାର କରୁଛନ୍ତି। ଏହାଦ୍ୱାରା କର୍କଟ ରୋଗ ବ୍ୟାପୁଛି। ବଲାଙ୍ଗୀର ଓ ଅବିଭକ୍ତ ସମ୍ବଲପୁର ଜିଲାରେ ଏହା ଅଧିକ ପରିଲକ୍ଷିତ ହେଉଛି ବୋଲି ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଗୃହରେ କହିଛନ୍ତି।

ବୁଧବାର ପ୍ରଶ୍ନକାଳରେ ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ ଅର୍ଗାନିକ୍ ବା ଜୈବିକଚାଷ ପାଇଁ ସରକାରଙ୍କ ପକ୍ଷରୁ କ'ଣ ବ୍ୟବସ୍ଥା କରାଯାଉଛି ପ୍ରଶ୍ନର ଉତ୍ତରରେ ଉପମୁଖ୍ୟମନ୍ତ୍ରୀ ତଥା କୃଷିମନ୍ତ୍ରୀ କେଭି ସିଂଦେଓଙ୍କ ପକ୍ଷରୁ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଥିଲେ, ଚାଷୀ ଅଧିକ ପରିମାଣରେ କୀଟନାଶକ ଏବଂ ରାସାୟନିକ ସାର ଜମିରେ ବ୍ୟବହାର କରିବା ଯୋଗୁ ବଲାଙ୍ଗୀର ଏବଂ ଅବିଭକ୍ତ ସମ୍ବଲପୁରରେ କର୍କଟ ରୋଗୀଙ୍କ ସଂଖ୍ୟା ବଢୁଛି। ଆଉ ଏଥିପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ବଳଭଦ୍ର ଜୈବିକ ମିଶନକୁ କାର୍ଯ୍ୟକାରୀ କରିବା ପାଇଁ ଗୁରୁତ୍ୱ ଦିଆଯାଉଛି। ଆଗାମୀ ଦିନରେ ଜୈବିକ ଚାଷକ୍ଷେତ୍ର କିଭଳି ବୃଦ୍ଧି ହୋଇପାରିବ ସେଦିଗରେ ରାଜ୍ୟ ସରକାର ପ୍ରତିଶ୍ରୁତିବଦ୍ଧ ବୋଲି ଆଇନ ମନ୍ତ୍ରୀ କହିଥିଲେ।



ଉପମୁଖ୍ୟମନ୍ତ୍ରୀ ତଥା କୃଷିମନ୍ତ୍ରୀ କେଭି ସିଂଦେଓଙ୍କ ପକ୍ଷରୁ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଗୃହରେ ଉତ୍ତର ରଖୁଛନ୍ତି।

ଅତିରିକ୍ତ ପ୍ରଶ୍ନ ପଚାରି ଆଚାର୍ଯ୍ୟ କହିଥିଲେ, ବିଶେଷକରି ଜଳସେଚିତ ଅଞ୍ଚଳର ଚାଷୀ ଅଧିକ ସାର ବ୍ୟବହାର କରୁଛନ୍ତି। ଘରୋଇ କମ୍ପାନୀଗୁଡ଼ିକ ସେମାନଙ୍କୁ ଏଥିଲାଗି ପ୍ରୋତ୍ସାହିତ କରୁଛନ୍ତି। ଅଧିକ ସାର ବ୍ୟବହାର ହୋଇ ଚାଷ ହୋଇଥିବା ଖାଦ୍ୟଶସ୍ୟ ଖାଇବା ଫଳରେ କ୍ୟାନ୍ସର ବ୍ୟାପୁଛି।

ମନ୍ତ୍ରୀ କହିଥିଲେ ଯେ, ଏହା ନିଶ୍ଚିତଭାବେ ଚିନ୍ତାର କାରଣ। ଅଧିକ ସାର ଓ କୀଟନାଶକ ବ୍ୟବହାର ଲାଗି କ୍ୟାନ୍ସର ଭଳି ରୋଗ ହେଉଛି। ଏଥିପାଇଁ ଚାଷୀଙ୍କୁ ସଚେତନ କରାଯାଉଛି। ଜୈବିକ କମ୍ପୋଷ୍ଟ ବ୍ୟବହାର ଦ୍ୱାରା ଚାଷୀଙ୍କର ଉତ୍ପାଦନ ପ୍ରଭାବିତ ହେବନାହିଁ ବୋଲି ସୁନିଶ୍ଚିତ କରାଯାଉଛି। ବଳଭଦ୍ର କୃଷି ମିଶନ ଜରିଆରେ ଜୈବିକ ପଦ୍ଧତିରେ ଚାଷ କରିବା ପାଇଁ ଚାଷୀଙ୍କୁ ପ୍ରୋତ୍ସାହିତ କରାଯାଉଛି। ବାୟୋ କମ୍ପୋଷ୍ଟ ତିଆରି କରିବା ପାଇଁ ମଧ୍ୟ ପ୍ରଶିକ୍ଷଣ ଦିଆଯାଉଛି।

ଭାଜପା ସଦସ୍ୟ ସନାତନ ବିଜୁଳି ବୈଜ୍ଞାନିକ ପଦ୍ଧତିରେ ପନିପରିବା ଚାଷ ପାଇଁ ସରକାର କ'ଣ ଯୋଜନା କରିଛନ୍ତି ବୋଲି ପ୍ରଶ୍ନ କରିଥିଲେ। ଉତ୍ତରରେ ମନ୍ତ୍ରୀ କହିଥିଲେ, ଶୀତଳଭଣ୍ଡାର ଅଭାବରୁ ବହୁ ଅଞ୍ଚଳରେ ଖରିଫ ଫସଲ ପରେ ଜମି ପଡ଼ିଆ ପଡୁଥିଲା। ଏହାର ସମାଧାନ ପାଇଁ ସରକାର ନୂଆ ଶୀତଳଭଣ୍ଡାର ନୀତି ଆଣିଛନ୍ତି।

ଏହି ଅବସରରେ ସନାତନ ପ୍ରଶ୍ନ କରିଥିଲେ ଯେ, ପଞ୍ଜାବ, ହରିୟାଣାରେ ପାଞ୍ଚଏକର ଜମି ଥିବା ଚାଷୀ କୋଟିପତି ହେଉଛନ୍ତି। ଡାଲିଜାତୀୟ ଫସଲରେ କମ୍ ସାର ଏବଂ କୀଟନାଶକ ବ୍ୟବହାର କରି ଅଧିକ ଫସଲ ଅମଳ କରାଯାଇପାରିବ। ଏ ଦିଗରେ ସରକାର କ'ଣ ପଦକ୍ଷେପ ନେଉଛନ୍ତି ବୋଲି ସେ ପ୍ରଶ୍ନ କରିଥିଲେ। ମନ୍ତ୍ରୀ କହିଥିଲେ, ପାଣିର ଅଭାବ ପାଇଁ ଖରିଫ ଫସଲ ପରେ ଚାଷଜମିଗୁଡ଼ିକ ପଡ଼ିଆ ରହୁଛି। ପାଣି ବ୍ୟବସ୍ଥା ଥିବା ଜମିଗୁଡ଼ିକରେ ଡାଲିଜାତୀୟ ଫସଲ କରାଯାଉଛି। ଜଳ ସମ୍ପଦ ବିଭାଗ ସହ ମିଶି ବିଭିନ୍ନ ପଦ୍ଧତିରେ ଜଳସେଚନ ପାଇଁ ପ୍ରକଳ୍ପ କାର୍ଯ୍ୟକାରୀ କରାଯାଉଛି। ହରିୟାଣା ଏବଂ ପଞ୍ଜାବ ତୁଳନାରେ ଆମ ଜମି ଉର୍ବର ଥିବାରୁ ଭବିଷ୍ୟତରେ ପନିପରିବା ଏବଂ ଡାଲିଜାତୀୟ ଚାଷରେ ଓଡ଼ିଶା ବଳକା ରାଜ୍ୟ ହେବାକୁ ଯାଉଛି। ବିରୋଧୀ ଦଳ ଉପ ମୁଖ୍ୟ ସଚେତକ ପ୍ରତାପ ଦେବ କହିଥିଲେ, ଏହାଦ୍ୱାରା କେବଳ 'ସରକାର କା ମାଲ୍ ଦରିଆମେଁ ଡାଲ୍' ହେଉଛି। ପ୍ରତାପ ପୁଣି ପ୍ରଶ୍ନ କରିଥିଲେ ଯେ, ବାହାରୁ ଅଣାଯାଉଥିବା ମୁଗ ବିହନ ଗଛ ହେଉନାହିଁ। ସରକାର ଦେଇଥିବା ମୁଗ ବିହନକୁ ସେ ନିଜେ ଚାଷ କରିଥିଲେ। ଉକ୍ତ ବିହନ ଆମ ରାଜ୍ୟ ପାଣିପାଗ ସହ ଖାପ ଖୁଆଇବା ସମ୍ଭବ ହେଲାନାହିଁ। ସେଥିରେ ଏକାଧିକ ଜଳସେଚନର ଆବଶ୍ୟକତା ଅଛି। ଚାଷ ବିଫଳ ହେଲା। ସରକାରୀ ବିହନ କାମ କରୁନାହିଁ ବୋଲି ପ୍ରତାପ କହିଥିଲେ। ମନ୍ତ୍ରୀ କହିଥିଲେ ଯେ, ହାଇବ୍ରିଡ୍ ବିହନର ଅଧିକ ଯତ୍ନର ଆବଶ୍ୟକତା ରହିଛି।

# ଏ ବର୍ଷ ଟୋକନ ଅବଧି ଶେଷ ହୋଇନାହିଁ: ମନ୍ତ୍ରୀ

ଭୁବନେଶ୍ୱର,୨।୪
(ରବିନାରାୟଣ ଜେନା)

## ପ୍ରତି ପଞ୍ଚାୟତରେ ହେବ ପୋଷଣ କେନ୍ଦ୍ର

ରାଜ୍ୟରେ ଗହମ ଓ ଗହମଜାତ ଦ୍ରବ୍ୟର ବାର୍ଷିକ ଆବଶ୍ୟକତା ୮ ଲକ୍ଷ ୮୬ ହଜାର ମେଟ୍ରିକ୍ ଟନ୍ ରହିଛି। ଓଡ଼ିଶାର ବ୍ୟବସାୟୀମାନେ ଗହମ ଓ ଗହମଜାତ ଦ୍ରବ୍ୟ ବିକ୍ରୟ କରୁଛନ୍ତି। ଏଥିସହ ପଞ୍ଜାବ, ଉତ୍ତର ପ୍ରଦେଶ, ମଧ୍ୟପ୍ରଦେଶ, ବିହାର ଓ ଝାଡ଼ଖଣ୍ଡରୁ ଗହମ ଓ ଗହମଜାତ ସାମଗ୍ରୀ ଆମଦାନୀ କରି ଆବଶ୍ୟକତା ପୂରଣ କରାଯାଉଛି। କଳାବଜାର ରୋକିବା ପାଇଁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଏନ୍‌ଫୋର୍ସମେଣ୍ଟ ଟିମ୍ ଯାଞ୍ଚ କରୁଛି। ଜାନୁଆରୀ ଶେଷସୁଦ୍ଧା ୪୪ ମିଲ୍ ଉପରେ ଯାଞ୍ଚ କରାଯାଇଛି ବୋଲି ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଗୃହରେ କହିଛନ୍ତି।

ଭାଜପା ସଦସ୍ୟ ଟଙ୍କଧର ତ୍ରିପାଠୀଙ୍କ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ ପାତ୍ର କହିଛନ୍ତି, ଚଳିତବର୍ଷ କୌଣସି ଟୋକନ ଅବଧି ଶେଷ(ଲାପ୍ସ) ହୋଇନାହିଁ, ସର୍ବାଧିକ ଧାନ ସରକାର କିଣିଛନ୍ତି। ୧୬ ଲକ୍ଷ ୮୦ ହଜାର ଚାଷୀ ଧାନ ବିକ୍ରି କରିଛନ୍ତି। ଗତବର୍ଷ ପୂର୍ବ ସରକାର ସମୟରେ ୪ଲକ୍ଷ ଟୋକନ ଲାପ୍ସ ହୋଇଥିଲା। ବିଜେଡି ସଦସ୍ୟ ସାରଦା ଜେନାଙ୍କ ପ୍ରଶ୍ନର ଉତ୍ତରରେ ଯୋଗାଣ ମନ୍ତ୍ରୀ କହିଛନ୍ତି, ପ୍ରତି ପଞ୍ଚାୟତରେ ପୋଷଣ କେନ୍ଦ୍ର ହେବ। ଚାଉଳ, ଡାଲି, ଚିନି, ତେଲ ଆଦି ରିହାତି ଦରରେ ଯୋଗାଇ ଦିଆଯିବ। ମାସେ ଦୁଇମାସ ମଧ୍ୟରେ ଏ ନେଇ ବ୍ୟବସ୍ଥା କରାଯିବ। ବିଜେଡି ସଦସ୍ୟ ଗୌତମବୁଦ୍ଧ ଦାସ ପ୍ରଶ୍ନ କରିଥିଲେ ଯେ, କେବେ ସୁଦ୍ଧା ଚାଉଳ ସହ ଗହମ ଦିଆଯିବ ? ଉତ୍ତରରେ ମନ୍ତ୍ରୀ କହିଥିଲେ, ରାଶନରେ ଚାଉଳ ସହ ଗହମ ଦେବେ ବୋଲି ସରକାର କହିଥିଲେ। ଏବେ ବି ଏହା ଦେବାକୁ ସରକାର ପ୍ରତିଶ୍ରୁତିବଦ୍ଧ। ଗତ ସରକାର ବେଳେ ରାଜ୍ୟ ସରକାର କେନ୍ଦ୍ର ସରକାରଙ୍କୁ ଚିଠି ଲେଖି ଜଣାଇଥିଲେ ଯେ, ଓଡ଼ିଶା ଚାଉଳଖିଆ ରାଜ୍ୟ। ତେଣୁ ଗହମ ବଦଳରେ ଚାଉଳ ଦିଆଯାଉ। ବର୍ତ୍ତମାନର ସରକାର ଗହମ ଦେବାକୁ କେନ୍ଦ୍ରକୁ ଯେଉଁ ଚିଠି ଲେଖିଥିଲେ, ତାହାକୁ ମଞ୍ଜୁରୀ ମିଳିଛି। ହେଲେ ପରିବହନ ସୁବିଧା ଓ ଗୋଦାମଘର ନ ଥିବାରୁ ତାହା ଏଯାଏ ଆସିପାରିନି। ଅନ୍ୟପକ୍ଷରେ ଚଳିତବର୍ଷ ଅଧିକ ଧାନ ଅମଳ ହୋଇଛି। ସରକାରଙ୍କ ଅନୁରୋଧ ପରେ ଅଧିକ ୨୦ ଲକ୍ଷ ମେଟ୍ରିକ୍ ଟନ୍ ଧାନ ନେବାକୁ ଏଫ୍‌ସିଆଇ ରାଜି ହୋଇଛି। କେନ୍ଦ୍ର ସମୁଦାୟ ୪୬ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ କିଣିବ। ହେଲେ ସେଥିରେ ବି ୧୫ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ ରାଜ୍ୟ ପାଖରେ ବଳକା ରହିବ ବୋଲି ଯୋଗାଣ ମନ୍ତ୍ରୀ ପାତ୍ର କହିଛନ୍ତି।

# ସିଏଜି ରିପୋର୍ଟ | ପାନୀୟଜଳ ପ୍ରକଳ୍ପରେ ବିଳମ୍ବ ଯୋଗୁ ୬.୧୬ କୋଟି ସ୍ୱାହା

ଭୁବନେଶ୍ୱର,୨।୪
(ରବିନାରାୟଣ ଜେନା)

## ପରିବର୍ତ୍ତନ ପାଇଁ ୪.୯୯ କୋଟି ବରବାଦ

ରାଜ୍ୟବାସୀଙ୍କୁ ବିଶୁଦ୍ଧ ପାନୀୟଜଳ ଯୋଗାଇବା ପାଇଁ ରାଜ୍ୟ ସରକାର ପ୍ରତିଶ୍ରୁତିବଦ୍ଧ ଥିଲେ। ହେଲେ ନିର୍ମାଣ ବେଳେ ବିଳମ୍ବ କରିବା ଯୋଗୁ ବିପୁଳ ପରିମାଣର ଅର୍ଥ ଅତିରିକ୍ତ ବ୍ୟୟ କରିବାକୁ ପଡ଼ିଲା। କେବଳ ବିଳମ୍ବ ପାଇଁ ୬.୧୬ କୋଟି ଟଙ୍କା ଅତିରିକ୍ତ ବ୍ୟୟ କରାଯାଇଛି ତାହା ନୁହେଁ, ବାରମ୍ବାର ପରିବର୍ତ୍ତନ ଯୋଗୁ ୪.୯୯ କୋଟି ଅଧିକ ଖର୍ଚ୍ଚ କରିବାକୁ ପଡ଼ିଛି ବୋଲି ବୁଧବାର ବିଧାନସଭାରେ ଉପସ୍ଥାପିତ କମ୍ପଟ୍ରୋଲର ଆଣ୍ଡ୍ ଅଡିଟର ଜେନେରାଲ (ସିଏଜି)ଙ୍କ ରିପୋର୍ଟରେ ଦର୍ଶାଯାଇଛି।

ବୁଧବାର ଖବରଦାତା ସମ୍ମିଳନୀରେ ମହାଲେଖାକାର (ଏଜି) ଅତୁଲ୍ୟ ପ୍ରକାଶ କହିଛନ୍ତି, ୨୭ଟି କ୍ଷୁଦ୍ର ଜଳ ଯୋଗାଣ ପ୍ରକଳ୍ପ କରିବାକୁ ସରକାର ଲକ୍ଷ୍ୟ ରଖିଥିଲେ। ଏଥିରେ ୪୯ଟି ଗ୍ରାମ (ଅନୁଗୋଳ ୧୨, ମୟୂରଭଞ୍ଜ ୩, ଯାଜପୁର ୧୯ ଏବଂ କୋରାପୁଟ ୧୫) ପାଇଁ ବିଭାଗ ପାନୀୟଜଳ ଯୋଗାଣ କରିବାକୁ ଲକ୍ଷ୍ୟ ରଖିଥିଲା। ହେଲେ ଏଥିପାଇଁ ବିଭାଗ ପକ୍ଷରୁ କୌଣସି ସମ୍ଭାବ୍ୟ ଅଧ୍ୟୟନ କରାଯାଇ ନ ଥିଲା। ଫଳସ୍ୱରୂପ, ଚାରିଟି ଜିଲାରେ ୧.୭୩ କୋଟି ଟଙ୍କା ଖର୍ଚ୍ଚ ପରେ ଜଳ ଉତ୍ସ ଉପଲବ୍ଧ ନ ଥିବାରୁ କାର୍ଯ୍ୟ ଅଧାରେ ବନ୍ଦ କରାଯାଇଥିଲା, ଯାହାଦ୍ୱାରା ଓଏମ୍‌ବିଏଡିସିକୁ ଆର୍ଥିକ କ୍ଷତି ହୋଇଥିଲା। ସେ କହିଛନ୍ତି, ପୁନଶ୍ଚ ଦ୍ୱିତୀୟ ପର୍ଯ୍ୟାୟରେ ପ୍ରାପ୍ତ ପାଣ୍ଠିରୁ ଅନୁଗୋଳର ୧୨ଟି ଗ୍ରାମ, କୋରାପୁଟ ଜିଲାର ୧୫ଟି ଗ୍ରାମ ପାଇଁ କୌଣସି ପ୍ରକଳ୍ପ ଅନୁମୋଦନ ହୋଇନାହିଁ। ଏହିପରି ଦୁଇଟି ଜିଲାରେ ୨୭ଟି ଖଣି ପ୍ରଭାବିତ ଗ୍ରାମକୁ ପାଇପ ଦ୍ୱାରା ଜଳ ଯୋଗାଣ ପ୍ରକଳ୍ପ ଦ୍ୱାରା ସ୍ୱଚ୍ଛ ପାନୀୟ ଜଳରୁ ବଞ୍ଚିତ କରାଯାଇଥିଲା । କେନ୍ଦୁଝରରେ ଆଡହକ କାମ୍ପା ପାଣ୍ଠିରୁ ଛୋଟ ପିଡବ୍ଲ୍ୟୁଏସ୍ ପ୍ରକଳ୍ପ ଅଧୀନରେ ଥିବା ଗ୍ରାମ ଏବଂ କ୍ଷତିପୂରଣ ପାଣ୍ଠିରୁ ମେଗା ପିଡବ୍ଲ୍ୟୁଏସ୍ ପ୍ରକଳ୍ପଗୁଡ଼ିକ ଅନ୍ତର୍ଭୁକ୍ତ ଗ୍ରାମଗୁଡ଼ିକରେ ଓଭରଲାପ ହୋଇଥିଲା। ଏହାଦ୍ୱାରା ଯୋଜନା ଏବଂ ତଦାରଖ ଅଭାବ ଯୋଗୁ ୧୨.୪୫ କୋଟି ଟଙ୍କା ବ୍ୟୟକୁ ଏଡ଼ାଇ ଦିଆଯାଇ ପାରିଥାନ୍ତା। କାରଣ ଏହି ଅର୍ଥ ଅନ୍ୟ ଖଣି ପ୍ରଭାବିତ ଗ୍ରାମଗୁଡିକର ଉନ୍ନତିରେ ଲାଗି ପାରିଥାନ୍ତା। ସେହିପରି ନିଲାମ ଦାଖଲ ପୂର୍ବରୁ ଢେଙ୍କାନାଳ ଜିଲା ଅନ୍ତର୍ଭୁକ୍ତ ଭୁବନ ବ୍ଲକ୍‌ର ଇନ୍‌ଟେକ୍ ୱେଲ୍ ପାଇଁ ଗ୍ରାମବାସୀ ହିତାଧିକାରୀ ଏବଂ ପିଆର୍‌ଆଇ ପ୍ରତିନିଧିଙ୍କ ବିନା ପରାମର୍ଶରେ, ସ୍ଥାନ ଚୟନ, ଡିପିଆର୍ ପ୍ରସ୍ତୁତି ଏବଂ କଣ୍ଟ୍ରାକ୍ଟର ଦ୍ୱାରା ଇନ୍‌ଟେକ ୱେଲ୍ ସର୍ଭେ କରିବାରୁ ଇନ୍‌ଟେକ୍ ୱେଲର ସ୍ଥାନ ଚୟନ ତିନିଥର ପରିବର୍ତ୍ତନ ହୋଇଥିଲା ଏବଂ ପ୍ରକଳ୍ପ କାର୍ଯ୍ୟ ୧୮ ମାସ ବିଳମ୍ବରେ ସମାପ୍ତ ହୋଇଥିଲା। ଏଥିପାଇଁ ୬.୧୬ କୋଟି ଟଙ୍କା ଅତିରିକ୍ତ ବ୍ୟୟ କରିବାକୁ ପଡ଼ିଥିଲା । ସେହିଭଳି ଆନନ୍ଦପୁର ଆର୍‌ଡବ୍ଲ୍ୟୁଏସ୍‌ଏସ୍ ଅଧୀନରେ ହାଟଡିହୀରେ ଇନ୍‌ଟେକ୍ ୱେଲ୍ ସ୍ଥାନର ବାରମ୍ବାର ପରିବର୍ତ୍ତନ ଯୋଗୁ ଅତିରିକ୍ତ ଏଡେଇବା ଯୋଗୁ ୪.୯୯ କୋଟି ଟଙ୍କା ଖର୍ଚ୍ଚ କରିବାକୁ ପଡିଥିଲା ଏବଂ ୨୦୦ ଗାଁକୁ ସ୍ୱଚ୍ଛ ପାନୀୟ ଜଳ ଯୋଗାଣରେ ବିଳମ୍ବ ହୋଇଥିଲା ।

# ବିଭିନ୍ନ ଜିଲାରେ କାଳବୈଶାଖୀ

ଭୁବନେଶ୍ୱର,୨।୪
(ଅନୁରାଧା ମହାରଣା)

ରାଜ୍ୟରେ ଗ୍ରୀଷ୍ମ ପ୍ରବାହ ଜାରି ରହିଥିବାବେଳେ କାଳବୈଶାଖୀ ପ୍ରଭାବ ମଧ୍ୟ ଦେଖିବାକୁ ମିଳୁଛି। ବିଜୁଳି, ଘଡ଼ଘଡ଼ି, ପବନ ସହ ହାଲୁକା ବର୍ଷା ଆରମ୍ଭ ହୋଇଛି। ବୁଧବାର ସୁନ୍ଦରଗଡ଼, ମୟୂରଭଞ୍ଜ, କେନ୍ଦୁଝର, ମାଲକାନଗିରି, ରାୟଗଡ଼ା, କୋରାପୁଟ ଏବଂ କନ୍ଧମାଳ ଜିଲାର କିଛି ଅଞ୍ଚଳରେ କାଳବୈଶାଖୀଜନିତ ବର୍ଷା ରେକର୍ଡ କରାଯାଇଛି। ଗୁରୁବାର ମଧ୍ୟ ବିଭିନ୍ନ ଜିଲାରେ କାଳବୈଶାଖୀ ନେଇ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି। ଏହିସବୁ ଜିଲାଗୁଡ଼ିକ ମଧ୍ୟରେ ମୟୂରଭଞ୍ଜ, କେନ୍ଦୁଝର, ସୁନ୍ଦରଗଡ଼, ଦେବଗଡ଼, ଅନୁଗୋଳ, ସମ୍ବଲପୁର, ଝାରସୁଗୁଡ଼ା, ବରଗଡ଼, ବୌଦ୍ଧ, ସୋନପୁର, ବଲାଙ୍ଗୀର ଓ ନୂଆପଡ଼ା ଆଦିଜିଲା ରହିଛି। ଘଣ୍ଟା ପ୍ରତି ୩୦ରୁ ୪୦ କିଲୋମିଟର ବେଗରେ ପବନ ବହିବା ସହ ବିଜୁଳି ଓ ଘଡ଼ଘଡ଼ିର ସମ୍ଭାବନା ରହିଛି। ୫ ତାରିଖ ଯାଏ ରାଜ୍ୟର ବିଭିନ୍ନ ସ୍ଥାନରେ କାଳବୈଶାଖୀ ପ୍ରଭାବ ଦେଖିବାକୁ ମିଳିବ। ତେଣୁ ସମ୍ପୃକ୍ତ ଜିଲାଗୁଡ଼ିକୁ ସତର୍କ ରହିବାକୁ ପାଣିପାଗ କେନ୍ଦ୍ର ପରାମର୍ଶ ଦେଇଛି।

## ୨ ମାଓବାଦୀ ଗିରଫ, ଅସ୍ତ୍ରଶସ୍ତ୍ର ଜବତ

ମାଲକାନଗିରି, ୨।୪
(ଦୁର୍ଯ୍ୟୋଧନ ପାତ୍ର)

ଛତିଶଗଡ଼ ସୁକ୍‌ମା ଜିଲା ପୋଲିସ ୨ ମାଓବାଦୀଙ୍କୁ ବୁଧବାର ଗିରଫ କରିଛି। ତାଙ୍କ ନିକଟରୁ ଅସ୍ତ୍ରଶସ୍ତ୍ର ଜବତ କରାଯାଇଛି। ଜଗରଗୁଣ୍ଡାରୁ ଜିଲା ପୋଲିସ ଓ ୧୬୫ ବାହିନୀ ସିଆର୍‌ପିଏଫ୍ ମିଳିତ ଭାବେ ସର୍ଚ୍ଚ ଓ କୋମ୍ବିଂ ନିମନ୍ତେ ସିଙ୍ଗାବରମ୍ ଓ ଆଖପାଖ ଅଞ୍ଚଳକୁ ବାହାରିଥିଲେ। ଉକ୍ତ ଅଞ୍ଚଳରେ ସର୍ଚ୍ଚ ସମୟରେ ୨ଜଣ ସନ୍ଦିଗ୍ଧ ବ୍ୟକ୍ତି ପୋଡିୟମ ଲଖମା ଓ ତେଲାମ ହିଡାଙ୍କୁ ଗିରଫ କରିଥିଲେ। ଏମାନଙ୍କୁ ପଚରାଉଚୁରା କରିବାରୁ ଏମାନେ ପ୍ରତିବନ୍ଧିତ ମାଓବାଦୀ ସଙ୍ଗଠନରେ କାର୍ଯ୍ୟ କରିଆସୁଛନ୍ତି। ଜଗରଗୁଣ୍ଡା ଥାନା ଅଞ୍ଚଳରେ ବହୁ ଘଟଣାରେ ସାମିଲ ଥିବା ସ୍ୱୀକାର କରିଥିଲେ। ଏମାନେ ରଖିଥିବା ୩ ବିଜିଏଲ୍ ସେଲ୍ ଓ ଗୋଟିଏ ବନ୍ଧୁକ ଜବତ କରାଯାଇଛି।







ସରକାରୀ ସବସିଡି ବିବରଣୀ

| ରୁଫ୍‌ଟପ୍ ସୋଲାର କ୍ଷମତା | କେନ୍ଦ୍ରୀୟ ସବସିଡି ସହାୟତା | ରାଜ୍ୟ ସବସିଡି ସହାୟତା (ଓଡ଼ିଶାର ବାସିନ୍ଦାଙ୍କ ପାଇଁ) | ସମୁଦାୟ ଆର୍ଥିକ ସହାୟତା |
|---|---|---|---|
| ୧ କିଲୋୱାଟ୍ | ₹୩୦,୦୦୦ | ₹୨୫,୦୦୦ | ₹୫୫,୦୦୦ |
| ୨ କିଲୋୱାଟ୍ | ₹୬୦,୦୦୦ | ₹୫୦,୦୦୦ | ₹୧,୧୦,୦୦୦ |
| ୩ କିଲୋୱାଟ୍ | ₹୭୮,୦୦୦ | ₹୬୦,୦୦୦ | ₹୧,୩୮,୦୦୦ |

*ନିୟମ ଏବଂ ସର୍ତ୍ତାବଳୀ ପ୍ରଯୁଜ୍ୟ।

ପିଏମ୍ ସୂର୍ଯ୍ୟ ଘର: ମୁଫ୍ତ ବିଜଲି ଯୋଜନା ବିଷୟରେ ଅଧିକ ଜାଣିବା ପାଇଁ ଆମର ନିଃଶୁଳ୍କ ହେଲ୍ପଲାଇନ ନମ୍ବର ୧୯୧୨/୧୮୦୦୩୪୫୭୧୨୨ ରେ ଯୋଗାଯୋଗ କରନ୍ତୁ
pmsuryaghar.gov.in ରେ ଆବେଦନ କରନ୍ତୁ

ଶକ୍ତି ହୋଇଉଠେ ମହାନ୍ -ଯେତେବେଳେ ତାହା କ୍ରୋଧମୁକ୍ତ ହୋଇ ଊର୍ଦ୍ଧ୍ୱଗାମୀ ହୁଏ। କୌଣସି କିଛିର ଧ୍ୱଂସସାଧନ ମଧ୍ୟ ମହିମାମୟ ହୋଇପାରେ। କିନ୍ତୁ ତା'ର ଉତ୍ସ ବା କାରଣ ଯଦି ହୁଏ ପ୍ରତିହିଂସା, ତେବେ ତାହା କାଳିମାମୟ ହୋଇଉଠେ। **-ଶ୍ରୀଅରବିନ୍ଦ**

**-ଶ୍ରୀମନ୍ଦିରରେ ଚୈତ୍ର ଗୁଣ୍ଡିଚା ଯାତ୍ରା, ବାସନ୍ତିକ ଶ୍ରୀଦୁର୍ଗାଦେବ୍ୟାଃ ବିଲ୍ୱବରଣ**



# ସାତ ଶତାବ୍ଦୀର କଥା



ଦେବଦତ୍ତ ପଟ୍ଟନାୟକ

ଇସ୍‌ଲାମ ଧର୍ମ ସପ୍ତମ ଶତାବ୍ଦୀରେ ଆରବରେ ସୃଷ୍ଟି ହୋଇଥିଲା। ଏହା ପଶ୍ଚିମକୁ ଭୂମଧ୍ୟସାଗରୀୟ ଦେଶ ସମୂହ ଏବଂ ପୂର୍ବକୁ ପର୍ସିଆ ବା ପାରସ୍ୟ(ଏବକାର ଇରାନ୍)କୁ ବିସ୍ତାର ହୋଇଥିଲା। ଅଷ୍ଟମ ଶତାବ୍ଦୀ ସୁଦ୍ଧା ଏହା ପୁନର୍ବାର ବିସ୍ତାରିତ ହୋଇ ସ୍ପେନ୍‌ରୁ ଆରମ୍ଭ କରି ସିନ୍ଧ୍ ଅଞ୍ଚଳରେ ପହଞ୍ଚିଥିଲା। ଏହା କିଭଳି ଭାରତରେ ପହଞ୍ଚିଲା? ରାଜନୈତିକ ବିଚାରରେ ଏହାର ଉତ୍ତର ହେଉଛି ହିଂସା ଓ ଲୁଣ୍ଠନ। କିନ୍ତୁ ବୁଦ୍ଧିଜୀବୀମାନେ ଉତ୍ତର ଦିଅନ୍ତି, ଏହା ଗୋଟିଏ ମାଧ୍ୟମରେ ଭାରତକୁ ଆସି ନ ଥିଲା, ବରଂ ସେତେବେଳର ବାଣିଜ୍ୟ, ଯୁଦ୍ଧ, ପ୍ରଚାର, କୃଷି ଓ ପ୍ରବାସନ ମାଧ୍ୟମରେ ଭାରତକୁ ପ୍ରବେଶ କରିଥିଲା।

ଚେରାମାନ ଜୁମା ସମ୍‌ଜିଦ (କେରଳ), ତାମିଲନାଡୁର ପାଲାୟା ଜୁମା ପାଲି, ଗୁଜରାଟର ଘୋଘା ସ୍ଥିତ ବରୱାଡ ମସ୍‌ଜିଦ ହେଉଛି ସପ୍ତମ ଶତାବ୍ଦୀର। ଆରବର ନାବିକ ଓ ବଣିକମାନେ ସ୍ଥାନୀୟ ହିନ୍ଦୁ ରାଜାଙ୍କ ସହାୟତାରେ ଏଗୁଡ଼ିକୁ ନିର୍ମାଣ କରିଥିଲେ। ବାସ୍ତବରେ ସେମାନେ ହେଉଛନ୍ତି ପ୍ରଥମ ଲୋକ ଯେଉଁମାନେ ଭାରତୀୟ ଉପକୂଳ ଅଞ୍ଚଳକୁ ଇସ୍‌ଲାମ ସଂସ୍କୃତିକୁ ଆଣିଥିଲେ। ସପ୍ତମ ଶତାବ୍ଦୀରେ ସିନ୍ଧ୍‌କୁ ଆରବୀୟ ଲୁଣ୍ଠନ କରିଥିବା କାହାଣୀ ତ୍ରୟୋଦଶ ଶତାବ୍ଦୀର ଏକ ପର୍ସିଆନ (ଇରାନୀୟ) ଗ୍ରନ୍ଥରେ ବର୍ଣ୍ଣନା କରାଯାଇଛି। ମୁମ୍ବାଇ ନିକଟସ୍ଥ ଠାଣେ ଅଞ୍ଚଳକୁ ଦଖଲକରିବା ପାଇଁ ସପ୍ତମ ଓ ଅଷ୍ଟମ ଶତାବ୍ଦୀରେ ଆରବୀୟମାନେ ସିନ୍ଧ୍ (ପାକିସ୍ତାନର ଦକ୍ଷିଣ ପୂର୍ବ ଭାଗ)କୁ ଆକ୍ରମଣ କରିଥିଲେ। ତେବେ ସେତେବେଳେ ସେଠାକାର ପ୍ରତିହାର ରାଜାମାନେ ସେମାନଙ୍କୁ ଘଉଡ଼ାଇଦେବାରେ ସଫଳ ହୋଇଥିଲେ। ଇସ୍‌ଲାମ ଧର୍ମ ବାଣିଜ୍ୟ ପଥ ଦେଇ ବିସ୍ତାର ଲାଭ କରିଥିବା ସ୍ପଷ୍ଟ ହେଉଥିଲେ ମଧ୍ୟ ସପ୍ତମ ଶତାବ୍ଦୀରେ ଉପମହାଦେଶରେ ସେନା ଅଭିଯାନ ମାଧ୍ୟମରେ ପହଞ୍ଚି ସିନ୍ଧ ଅଞ୍ଚଳରେ ପ୍ରବେଶ କରିଥିଲା। ଦଶମ ଶତାବ୍ଦୀ ପାଖାପାଖିରେ କେନ୍ଦ୍ର ଏସିଆରୁ ମହମ୍ମଦ ଗଜ୍‌ନୀଙ୍କ ଭଳି ଆକ୍ରମଣକାରୀମାନେ ହିନ୍ଦୁକୁଶ ପର୍ବତ ଅତିକ୍ରମ କରିଥିଲେ ଏବଂ ଧନ ପାଇଁ ସେମାନେ ଉତ୍ତର ଭାରତର ମନ୍ଦିରଗୁଡ଼ିକୁ ଲୁଣ୍ଠନ କରିଥିଲେ। ଦ୍ୱାଦଶ ଶତାବ୍ଦୀ ପରଠାରୁ ସେମାନେ ସେଠାରେ ରହିବା ଆରମ୍ଭ କରିଥିଲେ ଏବଂ ଭାରତର ବିଶାଳ କୃଷି ସମ୍ପଦକୁ ଦଖଲକୁ ନେଇ ଚାଷ ଆରମ୍ଭ କରିଦେଇଥିଲେ। ଏହି ଲୁଣ୍ଠନକାରୀମାନେ ଆରବର ନ ଥିଲେ, ସେମାନେ ଥିଲେ କେନ୍ଦ୍ର ଏସିଆର ତୁର୍କ (ତୁର୍କୀର ବାସିନ୍ଦା)। ପଞ୍ଚଦଶ ଶତାବ୍ଦୀରୁ ମୋଗଲଙ୍କ ଦ୍ୱାରା ତୁର୍କ ଓ ଆଫଗାନମାନଙ୍କ ପ୍ରଭାବ ଧୀରେ ଧୀରେ ହ୍ରାସ ପାଇଥିଲା।

ଏହି ସୁଲତାନମାନେ ଭାରତରେ ଏକ ନୂଆ ପର୍ସିଆନ ଦରବାର ସଂସ୍କୃତି ଆରମ୍ଭ କରିଥିଲେ ଏବଂ ପୁରୁଣା ସଂସ୍କୃତ ଭାଷା ତଥା ସଂସ୍କୃତି ପରମ୍ପରାକୁ ବଦଳାଇଦେଲେ।



ସେମାନଙ୍କ ସହ ଥିବା ଘୋଡ଼ାଗୁଡ଼ିକ ସେନାକୁ ଶକ୍ତିଶାଳୀ କରିଥିଲା। ସେଥିପାଇଁ ରାଜସ୍ଥାନରେ ବିଭିନ୍ନ ଅଞ୍ଚଳରେ ଘୋଡ଼ା ଉପରେ ବସିଥିବା ଦେବତା( ପୀର କିମ୍ବା ପୀର କୁହାଯାଏ)ଙ୍କୁ ଉଭୟ ହିନ୍ଦୁ ଓ ମୁସଲମାନ ପୂଜା କରିଥାନ୍ତି। ଦକ୍ଷିଣ ଭାରତର ମନ୍ଦିରଗୁଡ଼ିକରେ ଭାବର ଓ ରାଭୁଟାନ ଭଳି ମୁସଲମାନ ଅଶ୍ୱାରୋହୀ ଯୋଦ୍ଧାମାନେ ହିନ୍ଦୁ ଦେବଦେବୀଙ୍କୁ ଜଗିଥିବାର ଚିତ୍ର ଦେଖିବାକୁ ମିଳେ। ଏହା ବିଶେଷକରି ସମନ୍ୱୟ ବା ସଦ୍‌ଭାବନାକୁ ପ୍ରକାଶକରେ। ଶ୍ରୀରଙ୍ଗମ ଭଳି ଦକ୍ଷିଣ ଭାରତର ବିଷ୍ଣୁ ମନ୍ଦିର ସବୁ ମୁସଲମାନ ରାଜକୁମାରୀ ତଥା ଭକ୍ତର କାହାଣୀକୁ ସୂଚିତକରେ ଯିଏ କି ଦେବତାଙ୍କ ସ୍ତ୍ରୀ ହୋଇଥିଲେ। ଏହା ଉଭୟ ସଂସ୍କୃତିର ନିବିଡ଼ ସମ୍ପର୍କକୁ ସୂଚିତ କରୁଛି।

ଦ୍ୱାଦଶ ଶତାବ୍ଦୀ ପରଠାରୁ ସୁଫିମାନେ ଭାରତରେ ପ୍ରବେଶ କରିଥିଲେ। ସେମାନେ ଥିଲେ କେନ୍ଦ୍ର ଏସିଆର ଇସ୍‌ଲାମୀୟ ସୁଫିବାଦୀ। ମଙ୍ଗୋଲୀୟମାନେ ପୁରୁଣା ଆରବ ସାମ୍ରାଜ୍ୟକୁ ଆକ୍ରମଣକରି ନଷ୍ଟ କରିଦେବା ପରେ ସୁଫିମାନେ ଲୋକପ୍ରିୟ ହୋଇଥିଲେ। ଏହି ଅଧ୍ୟାତ୍ମବାଦୀ ବ୍ୟକ୍ତିମାନେ ବାଣିଜ୍ୟ ପଥ ଦେଇ ଭାରତର ସବୁ ଅଞ୍ଚଳକୁ ଯାତ୍ରା କରିଥିଲେ। ସେମାନଙ୍କ ମଧ୍ୟରେ କେତେକେ ସୈନ୍ୟ କିମ୍ବା ଘାଜି ଥିଲେ ଏବଂ ଅନ୍ୟସବୁ ଥିଲେ ଧର୍ମ ପ୍ରଚାରକ; ଯେଉଁମାନେ ଭାବନାତ୍ମକ ଶାନ୍ତି, ନ୍ୟାୟିକ ସେବା, ଔଷଧ ଓ କୃଷିଗତ ଜ୍ଞାନ ପ୍ରଦାନ କରୁଥିଲେ। ଏଣୁ ସେମାନେ ଯେଉଁଠି ରହୁଥିଲେ ସେଠାରେ ଲୋକେ ସେମାନଙ୍କୁ ଭଲ ପାଉଥିଲେ। ସେମାନଙ୍କର ଯେତେବେଳେ ମୃତ୍ୟୁ ଘଟିଲା ସେତେବେଳେ ସେମାନଙ୍କ ଦରଘା କିମ୍ବା ସମାଧି ବା କବରସ୍ଥଳୀ ଆଧ୍ୟାତ୍ମିକ କେନ୍ଦ୍ର ପାଲଟିଗଲା। ସେମାନଙ୍କ ଆତ୍ମା ନିକଟରୁ ଦିବ୍ୟ ଆଶୀର୍ବାଦ ପାଇବା ଲାଗି ସେଠାକୁ ଆଖପାଖ ଅଞ୍ଚଳର ଲୋକେ ଆସୁଥିଲେ। ଏହି ମୁସଲମାନ ପୀରମାନେ ହିନ୍ଦୁ ବୀରଙ୍କ ସହ ମିଶି ଲୋକକଥାର ଦୃଶ୍ୟପଟରେ ଏକ ଅଂଶ ପାଲଟିଯାଇଥିଲେ।

କୃଷିଭିତ୍ତିକ ନୂତନତ୍ୱ ଜ୍ୟାନ ମାଧ୍ୟମରେ ମଧ୍ୟ ଇସ୍‌ଲାମ ଧର୍ମ ବିସ୍ତାର ଲାଭକରିଛି, କିନ୍ତୁ ତାହାକୁ ବହୁ ସମୟରେ ଅଣଦେଖା କରାଯାଇଆସିଛି। ଭାରତକୁ ଆସିଥିବା ସୁଫିମାନେ ଦଶମ ଶତାବ୍ଦୀରୁ କୃଷିର ନୂଆ ଟେକ୍ନୋଲୋଜି ଆରମ୍ଭ କରିଥିଲେ। ସେମାନେ ଜଳଚକ, ଭୂତଳ କେନାଲ ନିର୍ମାଣ କରିଥିଲେ , ଯାହା ସ୍ପେନ୍ ଓ ପର୍ସିଆରେ ବିକଶିତ ହୋଇଥିଲା। ଏହା ଯୋଗୁ ଶୁଖିଲା ଅଞ୍ଚଳରେ କୃଷିକାର୍ଯ୍ୟ ସମ୍ଭବ ହେଲା। ଏହିସବୁ ଟେକ୍ନୋଲୋଜି ସିନ୍ଧ୍ ଓ ପଞ୍ଜାବକୁ ଆସିଥିଲା ଏହି ଅଞ୍ଚଳଗୁଡ଼ିକୁ କୃଷି ସମୃଦ୍ଧ କରିଥିଲା। ଫଳରେ ସେଠାରେ ଥିବା ଭୂମିହୀନ ଜାଠମାନେ ଜମି ମାଲିକ ହେବା ସହ ଆର୍ଥିକ ଦୃଷ୍ଟିରୁ ଲାଭବାନ୍ ହୋଇଥିଲେ। ଏହିସବୁ ଅଞ୍ଚଳରେ ସର୍ବାଧିକ ମୁସଲମାନ ରହୁଥିଲେ ଏବଂ ଧୀରେ ଧୀରେ ପାକିସ୍ତାନ ଚାଲିଯାଇଥିଲେ। ଭାରତର ପୂର୍ବାଞ୍ଚଳରେ ମୋଗଲ ଶାସନ ସମୟରେ ରାଜସ୍ୱ ଭିତ୍ତିଭୂମି ବୃଦ୍ଧି ପାଇଁ ଗଙ୍ଗାନଦୀ କୂଳରେ କୃଷିକୁ ଉତ୍ସାହିତ କରାଯାଇଥିଲା। ପୂର୍ବରୁ ମୁଖ୍ୟସ୍ରୋତର ବାହାରେ ରହୁଥିବା ସୀମାନ୍ତ ଅଞ୍ଚଳର ଲୋକମାନେ ଏହି ସୁଯୋଗରୁ ଲାଭ ଉଠାଇଲେ। ସୁଫି ବିଦ୍ୱାନଙ୍କ ସହଯୋଗରେ ସେମାନେ ନୂଆ ବସତି ସ୍ଥାପନ କରିଥିଲେ ଯାହା ପରେ ବାଂଲାଦେଶ ହୋଇଛି। ଏଠାରେ ପଞ୍ଚପୀରଙ୍କ ପୂଜା ହେଉଥିବା ଦେଖିବାକୁ ମିଳେ, ଯାହାଙ୍କୁ ପଞ୍ଚପାଣ୍ଡବ ଭାବେ ଚିହ୍ନଟ କରାଯାଇଥାଏ। କୃଷି ସହ ଜଡ଼ିତ ବନ୍ ବିବିଙ୍କ ଭଳି ସ୍ଥାନୀୟ ଦେବୀ ସୁନ୍ଦରବନରେ ଅଛନ୍ତି। ବେଙ୍ଗଲର କୁଟୀରଗୁଡ଼ିକରେ କରାଯାଉଥିବା ଟେରାକୋଟା ଏହି ଅଞ୍ଚଳର ମସ୍‌ଜିଦଗୁଡ଼ିକରେ ମଧ୍ୟ ଦେଖିବାକୁ ମିଳେ, ଯାହା ଆରବ ଓ ପର୍ସିଆନ ମସ୍‌ଜିଦଠାରୁ ସମ୍ପୂର୍ଣ୍ଣ ଭିନ୍ନ।

ବିଶେଷକରି ତ୍ରୟୋଦଶ ଶତାବ୍ଦୀର ମଙ୍ଗୋଲ ଆକ୍ରମଣ ପରେ କେନ୍ଦ୍ର ଏସିଆ ଏବଂ ପାରସ୍ୟରୁ ଅନେକ ପ୍ରବାସୀ ମୁସଲମାନ ଦିଲ୍ଲୀ ଓ ବାହାମନି ସାମ୍ରାଜ୍ୟରେ ନିଯୁକ୍ତି ସୁଯୋଗକୁ ଲକ୍ଷ୍ୟକରି ଆସିଥିଲେ। ଅନେକେ ସପରିବାର ଆସିଥିଲେ ଏବଂ ଆଉ କେତେକେ ସ୍ଥାନୀୟ ମହିଳାଙ୍କୁ ବିବାହ କରିଥିଲେ। ସେମାନଙ୍କ ମଧ୍ୟରେ କେତେକେ ନୌକର (ସବୈତନିକ ସୈନ୍ୟ) ଏବଂ ଚାକର (ସବୈତନିକ ଆକାଉଣ୍ଟାଣ୍ଟ) ଥିଲେ। ଇସ୍‌ଲାମ ଧର୍ମ ମଧ୍ୟ ସେମାନଙ୍କ ସହ ଆସିଥିଲା। ସେମାନେ ଦରବାରରେ ପ୍ରତିଷ୍ଠିତ ବ୍ୟକ୍ତି ଥିଲେ ଓ ପର୍ସିଆନ ଭାଷା କହୁଥିଲେ ଏବଂ ପର୍ସିଆନ ଶୈଳୀରେ ମସ୍‌ଜିଦ ନିର୍ମାଣ କରିଥିଲେ। ସ୍ଥାନୀୟ ସମ୍ଭ୍ରାନ୍ତୀୟ ଭାରତୀୟ ମୁସଲମାନମାନେ ପ୍ରବାସୀ ସମ୍ଭ୍ରାନ୍ତ ମୁସଲମାନଙ୍କୁ ବିରୋଧ କରିଥିଲେ। ସମ୍ଭ୍ରାନ୍ତୀୟ ମୁସଲମାନମାନେ ନୀଚଜାତିର ଲୋକଙ୍କ ଧର୍ମାନ୍ତରୀକରଣକୁ ଗୁରୁତ୍ୱ ଦେଉ ନ ଥିଲେ। ଏହିପରି ଭାବେ ଭାରତରେ ଇସ୍‌ଲାମ ଧର୍ମର ପ୍ରବେଶର ଜଟିଳ କାହାଣୀ ହେଉଛି ଏକ ସାତ ଶତାବ୍ଦୀର କଥା , ଯେଉଁଥିରେ ବାଣିଜ୍ୟ, ଯୁଦ୍ଧ, ପ୍ରଚାରକ, କୃଷିବିତ୍ ଏବଂ ପ୍ରବାସୀ ଜଡ଼ିତ ରହିଛନ୍ତି।

-devduttofficial@gmail.com

# ମାନସିକ ସ୍ୱାସ୍ଥ୍ୟ ପାଇଁ କଲରିଂ



ଡା. ସମ୍ରାଟ କର

ସାଧାରଣତଃ ଛୋଟ ବେଳେ ସମସ୍ତଙ୍କୁ ଚିତ୍ରରେ ରଙ୍ଗ ଭରିବାକୁ ଭଲ ଲାଗେ। ବଡ଼ ହେବା ପରେ ଏଥିରୁ ନିଜକୁ ଦୂରେଇ ରଖନ୍ତି। ତେବେ ଆଜିର ସମୟରେ ଏ କାମ କେବଳ ଛୋଟ ପିଲାଙ୍କ ମଧ୍ୟରେ ସୀମିତ ନାହିଁ, ଏହା ବଡ଼ମାନଙ୍କ ପାଇଁ ବି ଉତ୍ତମ। ଏବେ ବଡ଼ ପିଲାଙ୍କ ପାଇଁ କଲରିଂ ବହି ମିଳୁଛି। ଯାହାକି ମାନସିକ ସ୍ୱାସ୍ଥ୍ୟ ଉପରେ ଆଧାରିତ। କଲରିଂ ବହିର ପାଟର୍ନ ଅବସାଦ କମ୍ କରି ସୃଜନଶୀଳତା ବୃଦ୍ଧିରେ ସାହାଯ୍ୟ କରେ।

ଆମେ ନିତିଦିନିଆ ସମୟକୁ ଦେଖିଲେ ଜାଣୁ କେବଳ ଛୋଟପିଲା ନୁହନ୍ତି ବଡ଼ ଲୋକମାନେ ମଧ୍ୟ ଏପରିକି ସମାଜରେ ନିଜ ନିଜ କ୍ଷେତ୍ରରେ ପ୍ରତିଷ୍ଠିତ ହୋଇଥିବା ଓ ଅତ୍ୟନ୍ତ ବ୍ୟସ୍ତବହୁଳ ସମୟ ବିତାଉଥିବା ଲୋକମାନଙ୍କ ଭିତରେ ଏହି ଅନ୍ତର୍ନିହିତ ସୃଜନ କଳା ପ୍ରତି ଆଗ୍ରହ ଓ ଆବେଗ ରହିଛି। କର୍ମବ୍ୟସ୍ତ ସମୟରୁ କିଛି କାଢ଼ି ସେମାନେ ଏଥି ନିମିତ୍ତ ସମୟ ଦିଅନ୍ତି ଓ ଚମତ୍କାର ଚିତ୍ର ଆଙ୍କି ଥାଆନ୍ତି। ବର୍ତ୍ତମାନ ପର୍ଯ୍ୟନ୍ତ ଆମମାନଙ୍କ ଭିତରେ କଲରିଂ କରୁଥିବା ପିଲା ବା ଲୋକମାନଙ୍କ ଉପରେ ସେତେଟା ଏକ ଭଲ ଧାରଣା ତିଆରି ହୋଇପାରିନାହିଁ। ଏହା ଯେ ଏକ ଚମତ୍କାର ଓ ଭଗବାନ୍‌ଙ୍କ ପ୍ରଦତ୍ତ ସୃଜନଶକ୍ତିର ବିକଶିତ ରୂପରେଖ ତାହା ଆମକୁ ବୁଝିବାରେ ସେତେଟା ସହଜ ହୋଇପାରିନାହିଁ। ଅବସର ବିନୋଦନ ହେଉ ବା ଅସ୍ଥିର, ବିଚଳିତ ମନକୁ ଏକାଗ୍ର ରାସ୍ତାରେ ଆଗେଇ ନେବା ପାଇଁ କଲରିଂ ଏକ ଚମତ୍କାର ମାଧ୍ୟମ। ବର୍ତ୍ତମାନ ଏହି କଲରିଂକୁ ନେଇ ଅନେକ ପାଠ୍ୟକ୍ରମ ମଧ୍ୟ ତିଆରି ହେଲାଣି। ବୃତ୍ତିଗତ କ୍ଷେତ୍ର ଭାବେ ଏହା ମଧ୍ୟ ଜଣକୁ ଯଥାର୍ଥ ପରିଚୟ ଦେବା ସହ ଗୁଜୁରାଣ ମେଣ୍ଟାଇବା ପାଇଁ ଅର୍ଥ ରୋଜଗାରର ଏକ ସମ୍ମାନଜନକ ମାଧ୍ୟମ ପାଲଟି ସାରିଲାଣି। ତଥାପି କେତେଜଣ ଅଭିଭାବକ ସେମାନଙ୍କ ପିଲାମାନଙ୍କର ଛୋଟ ବେଳର କଲରିଂରେ ବ୍ୟସ୍ତତାକୁ ସେପରି ବେଶ୍ ସହଜରେ ଗ୍ରହଣ କରିପାରି ନ ଥାନ୍ତି।

ଗମ୍ଭୀର ଚିନ୍ତାରୁ ଧ୍ୟାନ ହଟାଇବା ପାଇଁ କଲରିଂ ବୁକ୍ ସାହାଯ୍ୟ କରେ। ଏଭଳି ମଜାଦାର ଗତିବିଧି ମାଧ୍ୟମରେ ଶାନ୍ତି ଏବଂ ବିଶ୍ରାମ ଭାବନା ବୃଦ୍ଧି ପାଏ। ସେହିପରି ଚିତ୍ରରେ ରଙ୍ଗ ଭରିବା ହେଉଛି ଏକ ସୃଜନାତ୍ମକ ଏବଂ ମଜାଦାର କାମ। ଏହା ଦ୍ୱାରା ମନକୁ ଶାନ୍ତ କରିବା ସମ୍ଭବ। ଜଟିଳ ଚିତ୍ରରେ ରଙ୍ଗ ଭରିବା ଦ୍ୱାରା ଧ୍ୟାନ ସେଥିରେ ରହେ ଏବଂ ମନ ବିଚଳିତ ହୁଏନାହିଁ। କଲରିଂ ସୃଜନାତ୍ମକ ଜ୍ଞାନ କୌଶଳ ବୃଦ୍ଧିରେ ସାହାଯ୍ୟ କରେ। ନିଜର କଳାତ୍ମକ ଅଭିବ୍ୟକ୍ତିକୁ ଜାଣିବାର ଏହା ଏକ ସହଜ ଉପାୟ। କାରଣ ଦୁଇଜଣଙ୍କୁ ଗୋଟିଏ ଚିତ୍ରରେ ରଙ୍ଗ କରିବାକୁ ଦେଲେ ସେମାନେ ଭିନ୍ନ ଭିନ୍ନ ରଙ୍ଗକୁ ଚୟନ କରନ୍ତି। ଏଥିରୁ ଜଣାପଡ଼େ ଯେ ସମସ୍ତଙ୍କ ଚିନ୍ତାଧାରା ଭିନ୍ନ। କଲରିଂ ନକାରାତ୍ମକ ଚିନ୍ତାରୁ ଦୂରେଇ ରଖିବାରେ ସାହାଯ୍ୟ କରେ। ନିତିଦିନିଆ ମୋ ମାନସିକ ଚିକିତ୍ସା, ନିଦାନ ଓ ପରାମର୍ଶ କେନ୍ଦ୍ରରେ ଅନେକ ପୀଡ଼ିତଙ୍କୁ ସାମ୍ନା କରିଥାଏ ଯେଉଁମାନେ ମାନସିକଭାବେ ଅସୁସ୍ଥ ହେବା ପୂର୍ବରୁ ବେଶ୍ ଭଲ ଭାବେ କଲରିଂରେ ନିଜକୁ କିଛି ସମୟ ବିତାଇ ସମୟ କାଟୁଥିଲେ। କଲରିଂ ଏକ ଏପରି ଅନ୍ତର୍ନିହିତ ସୃଜନଶକ୍ତି ଯାହା ନିଜ ଆଖପାଖର ପରିବେଶ, କାର୍ଯ୍ୟକଳାପ ଓ ଜୀବନ ଚରିତ୍ରର ଲୋକମାନଙ୍କ ସମ୍ବନ୍ଧରେ କିଛି ଜଣାଇଥାଏ, ସେମାନଙ୍କୁ ଅନେକ ମାନସିକ ଶାନ୍ତି ଦେଇଥାଏ। ଯଦିଓ କଲରିଂ କେତେକ ନିର୍ଦ୍ଦିଷ୍ଟ ମାନସିକ ପୀଡ଼ିତମାନଙ୍କ ପାଇଁ ଏକ ପ୍ରକାର ଯନ୍ତ୍ରଣାର କାରଣ ହୋଇଥାଏ, ତାହା ତ ଅଲଗା କଥା ତେବେ ମାନସିକ ସ୍ୱାସ୍ଥ୍ୟ ପାଇଁ କଲରିଂ ଏକ ଏପରି ଶକ୍ତିଶାଳୀ ଭିଟାମିନ ପରି କାର୍ଯ୍ୟ କରିଥାଏ ଯେ ଅନେକେ ଏହା ବିନା ବଞ୍ଚି ନ ପାରିବା ପରି ଅନୁଭବ କରନ୍ତି। ସତେଯେପରି ମାଛ ବିନା ଜଳ। ତେବେ କେଉଁମାନଙ୍କୁ କେଉଁ କେଉଁ ରଙ୍ଗ ପସନ୍ଦ ଆସିଥାଏ ତାହା ସେମାନଙ୍କ ବ୍ୟକ୍ତିଗତ ଆଗ୍ରହ। ମୁଁ କେତେକ ନିର୍ଦ୍ଦିଷ୍ଟ ମାନସିକ ଅସହାୟ ଓ ପୀଡ଼ିତମାନଙ୍କ ପାଇଁ ସେମାନଙ୍କ ପୂର୍ବ ଜୀବନର ଜୀବନ ରେଖା, କାର୍ଯ୍ୟକଳାପ ଓ ବ୍ୟକ୍ତିଗତ ରୁଟିନ୍ ବୁଝିବା ସମୟରେ ଯେତେବେଳେ ଜାଣେ ଯେ ସେମାନେ ପୂର୍ବରୁ ଜଣେ ଜଣେ ରଙ୍ଗ ତୂଳିର ନାୟକ ଥିଲେ, ସେମାନଙ୍କ ନିକଟ ଲୋକମାନଙ୍କୁ ସେହି ରଙ୍ଗ ତୂଳି ଜୀବନକୁ କିଛି ମାତ୍ରାରେ ଫେରାଇବା ପାଇଁ ପରାମର୍ଶ ଦେଇଥାଏ। ତେଣୁ କଲରିଂ ଜୀବନ ବଞ୍ଚିବାର ଅମୃତ ମହୌଷଧି ଏବଂ ସର୍ବୋପରି ଏହା ଏକ ରଙ୍ଗିନ ମାନସିକତାର ଜୀବନ ଅଭିବୃଦ୍ଧି। ଏହାକୁ ବୁଝନ୍ତୁ ଆଉ ଗ୍ରହଣ କରନ୍ତୁ।

**ମାନସିକ ରୋଗ ବିଶେଷଜ୍ଞ,**
**ଦି' ବ୍ରେନ, ପୁରୀଘାଟ ରୋଡ୍, କଟକ,**
**ମୋ:୯୧୩୨୪୩୩୩୩୩**

## ଏଇ ଭାରତରେ

ଶେଷାଦ୍ରି ଶିବକୁମାର ପେସାରେ ଜଣେ ସିଭିଲ ଇଞ୍ଜିନିୟର। କିନ୍ତୁ କଶ୍ମୀର ସାଫ୍ରୋନ ଚାଷକରି ସେ ସଫଳ ହୋଇପାରିଛନ୍ତି, ତାହା ପୁଣି କେରଳରେ। ପ୍ରତିକୂଳ ପରିବେଶରେ କଶ୍ମୀର ସାଫ୍ରୋନ ଚାଷକରି ଅଧିକ ଅମଳ କରିବାକୁ ସକ୍ଷମ ହୋଇଛନ୍ତି। ସେ କଶ୍ମୀର ଯାଇ ଏହି ଚାଷ ସମ୍ପର୍କରେ ଜ୍ଞାନ ହାସଲ କରିଥିଲେ। ପ୍ରଥମେ ସେ ଏହି ଚାଷରେ ୧୦ ଲକ୍ଷ ଟଙ୍କା ନିବେଶ କରିଥିଲେ। ଆରମ୍ଭରୁ ୪ କୁଇଣ୍ଟାଲ ସାଫ୍ରୋନ କଢ଼ି ଉତ୍ପାଦନ କରିଥିଲେ। ଏହା ଥିଲା ସାଫ୍ରୋନ କୃଷିରେ ଏକ ଭିନ୍ନ ଘଟଣା। ସବୁଠୁ ବଡ଼କଥା ହେଉଛି ଶେଷାଦ୍ରି ଏହି ଚାଷ ମାତ୍ର ୨୨୫ ବର୍ଗଫୁଟ ଜାଗାରେ ଏରୋପୋନିକ୍ ପଦ୍ଧତି(ବିନାମାଟିରେ ନ୍ୟୁଟ୍ରିଏଣ୍ଟଯୁକ୍ତ ଜଳକଣା ବ୍ୟବହାର କରି କରାଯାଇଥାଏ)ରେ କରୁଛନ୍ତି। ତାଙ୍କ ଚାଷ ବ୍ୟବସ୍ଥା ସମ୍ପୂର୍ଣ୍ଣ ଭାବେ ସ୍ୱୟଂଚାଳିତ ତଥା ରିମୋଟ୍ ନିୟନ୍ତ୍ରିତ। ଗୋଟିଏ ବର୍ଷରେ ସେ ଏହି ଚାଷରୁ ୧୨ ଲକ୍ଷ ଟଙ୍କା ରୋଜଗାର କରିଛନ୍ତି। ସାଫ୍ରୋନ ଚାଷକୁ ସ୍ଥାନୀୟ ଅଞ୍ଚଳରେ ବ୍ୟାପକ କରିବା ପାଇଁ ସେ ୧୦୦ରୁ ଊର୍ଦ୍ଧ୍ୱ ଲୋକଙ୍କୁ ପ୍ରଶିକ୍ଷଣ ଦେଇଛନ୍ତି।

## ୫୦ ବର୍ଷ ତଳର ଧରିତ୍ରୀ

DHARITRI

**୩ ଏପ୍ରିଲ ୧୯୭୬**

- ରାଜସ୍ୱ ମନ୍ତ୍ରୀ ବଲ୍ଲଭ ପାଣିଗ୍ରାହୀ ବିଧାନସଭାରେ ଆଗତ କରିଥିବା ଓଡ଼ିଶା ଚକବନ୍ଦୀ ସଂଶୋଧନ ଆଇନ ଗୃହୀତ ହୋଇଯାଇଛି।
- ଭାରତ ସୋଭିଏତ୍ ରୁଷକୁ ୩୦ କୋଟି ଟଙ୍କାର କାଜୁବାଦାମ ଯୋଗାଇଦେବା ପାଇଁ ଉଭୟ ଦେଶର ଦୁଇଟି ବାଣିଜ୍ୟ ଅନୁଷ୍ଠାନ ମଧ୍ୟରେ ଏକ ଚୁକ୍ତି ସ୍ୱାକ୍ଷରିତ।
- ଆଙ୍ଗୋଲାକୁ ଯୁଦ୍ଧଜନିତ କ୍ଷତିପୂରଣ ଦେବା ଲାଗି ଦକ୍ଷିଣ ଆଫ୍ରିକାକୁ ଜାତିସଂଘ ନିରାପତ୍ତା ପରିଷଦର ନିର୍ଦ୍ଦେଶ।

## su|do|ku — ସୁ-ଡୋ-କୁ

Puzzles by Srikant Ghosh

| | | | | | | | | |
|---|---|---|---|---|---|---|---|---|
| | | 7 | 3 | | | | | 6 |
| | | | 7 | 5 | | 9 | | |
| | 1 | | | | | 2 | | 8 |
| | | | 5 | 7 | | | | |
| | 4 | | 9 | | | | | 2 |
| 7 | | 1 | | | 6 | | | |
| 4 | 2 | | | | | 6 | | |
| | | | 4 | | | | | 3 |
| | | 9 | | | | 8 | 2 | |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡ଼ି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୧ରୁ ୯ ପର୍ଯ୍ୟନ୍ତ ଅଙ୍କ ରହିବ।

| | | | | | | | | |
|---|---|---|---|---|---|---|---|---|
| 5 | 4 | 6 | 1 | 9 | 7 | 8 | 3 | 2 |
| 3 | 9 | 2 | 8 | 5 | 6 | 4 | 7 | 1 |
| 1 | 7 | 8 | 4 | 3 | 2 | 9 | 6 | 5 |
| 9 | 3 | 5 | 7 | 6 | 8 | 2 | 1 | 4 |
| 7 | 2 | 4 | 9 | 1 | 5 | 6 | 8 | 3 |
| 6 | 8 | 1 | 3 | 2 | 4 | 7 | 5 | 9 |
| 4 | 1 | 7 | 2 | 8 | 3 | 5 | 9 | 6 |
| 2 | 5 | 3 | 6 | 7 | 9 | 1 | 4 | 8 |
| 8 | 6 | 9 | 5 | 4 | 1 | 3 | 2 | 7 |

ଗତକାଲିର ଉତ୍ତର

# ଆଶଙ୍କାରେ ପେନ୍‌ସନଭୋଗୀ



ବୃହସ୍ପତି ସାମଲ

ବିତ୍ତ ବିଧେୟକ ୨୦୨୫ର ଅଂଶବିଶେଷ ଭାବେ ୨୫ ମାର୍ଚ୍ଚ ୨୦୨୫ରେ କେନ୍ଦ୍ରୀୟ ବେସାମରିକ ସେବା (ପେନ୍‌ସନ) ନିୟମ ତଥା ଭାରତ ସରକାରଙ୍କ ସଞ୍ଚିତ ପାଣ୍ଠିରୁ ପେନ୍‌ସନ ଦେୟ ବୈଧିକରଣ ସମ୍ବନ୍ଧୀୟ ବିଜ୍ଞପ୍ତି ପ୍ରକାଶ ପାଇବା ପରେ ଭାରତର ସମସ୍ତ ପେନ୍‌ସନଭୋଗୀ ଭୟଭୀତ ହେବା ସହ ପେନ୍‌ସନର ଭବିଷ୍ୟତ ସ୍ୱରୂପକୁ ନେଇ ଅନେକ ଆଶଙ୍କା ପ୍ରକଟ କରିଛନ୍ତି। ବୈଧିକରଣର ଏହି ସିଦ୍ଧାନ୍ତ ଅନୁଯାୟୀ ପେନ୍‌ସନ ନିୟମ ପ୍ରତି କୌଣସି ପୂର୍ବାଗ୍ରହ ବିନା କେନ୍ଦ୍ର ସରକାର ପେନ୍‌ସନଭୋଗୀଙ୍କ ଅବସର ଗ୍ରହଣ ତାରିଖକୁ ନେଇ ସେମାନଙ୍କ ଭିତରେ ଏକ ପ୍ରଭେଦ ସୃଷ୍ଟି କରିପାରିବେ, ଯାହା କେନ୍ଦ୍ରୀୟ ବେତନ ଆୟୋଗଙ୍କ ସୁପାରିସ ଲାଗୁ ସମୟରୁ ଆରମ୍ଭ ହେବ। ଏହି ବୈଧିକରଣ ୧ ଜୁନ ୧୯୭୨ରୁ ଲାଗୁ ହେବ, ଯାହାଦ୍ୱାରା ସମ୍ବିଧାନର ଅନୁଚ୍ଛେଦ ୩୦୯ ଆଧାରରେ ସମୟାନୁସାରେ ହୋଇଥିବା କେନ୍ଦ୍ରୀୟ ବେସାମରିକ ସେବା (ପେନ୍‌ସନ) ନିୟମ, ୧୯୭୨ ଓ ୨୦୨୧ ଏବଂ କେନ୍ଦ୍ରୀୟ ବେସାମରିକ ସେବା (ଅସାଧାରଣ ପେନ୍‌ସନ) ନିୟମ ୨୦୨୩ ଅନ୍ତର୍ଗତ ସମସ୍ତ ସଂଶୋଧିତ ନିୟମଗୁଡ଼ିକୁ ମାନ୍ୟତା ପ୍ରଦାନ କରିବ।

ଏବେ ପେନ୍‌ସନଭୋଗୀଙ୍କ ମଧ୍ୟରେ ଆଶଙ୍କା ଉପୁଜିବାର କାରଣ ହେଲା ଯେ ପ୍ରସ୍ତାବିତ ଅଷ୍ଟମ ବେତନ ଆୟୋଗଙ୍କ ସୁପାରିସ ଆସନ୍ତା ୧ ଜାନୁଆରୀ ୨୦୨୬ରୁ ଲାଗୁହେବାକୁ ଯାଉଥିବା ସମୟରେ ଯଦି ଅବସର ତାରିଖକୁ ନେଇ ଉପରୋକ୍ତ ବିଜ୍ଞପ୍ତି ଅନୁଯାୟୀ ପେନ୍‌ସନଭୋଗୀଙ୍କୁ ଭାଗ ଭାଗ କରାଯାଏ, ତେବେ ଅନୁମୋଦନ ଲାଗୁ ହେବା ପୂର୍ବରୁ ଅବସର ନେଇଥିବା କର୍ମଚାରୀଙ୍କ ପେନ୍‌ସନ ଅଷ୍ଟମ ବେତନ ଆୟୋଗଙ୍କ ସୁପାରିସ ମୁତାବକ ବୃଦ୍ଧି ନ ହୋଇ କେବଳ ଅନୁମୋଦନ ଲାଗୁ ହେବା ପରେ ଯେଉଁମାନେ ଅବସରନେବେ ସେମାନଙ୍କ ପାଇଁ ପ୍ରଯୁଜ୍ୟ ହେବ। ପୂର୍ବର ସାତଟିଯାକ ବେତନ ଆୟୋଗଙ୍କ ସୁପାରିସ ଲାଗୁ ହେବା ସମୟରେ ଏଭଳି ଆଶଙ୍କା ବା ପରିସ୍ଥିତି ସୃଷ୍ଟି ହୋଇ ନ ଥିଲା। ପୁରୁଣା ପେନ୍‌ସନ ଯୋଜନା (ଓପିଏସ୍), ଜାତୀୟ ପେନ୍‌ସନ ଯୋଜନା (ଏନ୍‌ପିଏସ୍) ଏବଂ ଏକୀକୃତ ପେନ୍‌ସନ ଯୋଜନା (ୟୁପିଏସ୍)କୁ ନେଇ ପେନ୍‌ସନଭୋଗୀମାନେ ପୂର୍ବରୁ ବିଭାଜିତ ହୋଇସାରିଥିଲା ବେଳେ ବିତ୍ତ ବିଧେୟକ ୨୦୨୫ ଆଳରେ ଅବସର ତାରିଖକୁ ନେଇ ପୁନଃ ବିଭାଜିତ ହେବା ସହ ପେନ୍‌ସନ ହ୍ରାସ ଓ ବୃଦ୍ଧିକୁ ଗ୍ରହଣ କରିବାକୁ କେହି ପ୍ରସ୍ତୁତ ନୁହନ୍ତି।

ଏହି ପରିପ୍ରେକ୍ଷୀରେ, ଉପରୋକ୍ତ ବିଜ୍ଞପ୍ତି ପ୍ରକାଶନର ତୁରନ୍ତ ବାଦ ସମଗ୍ର ଦେଶର ବିଭିନ୍ନ ପେନ୍‌ସନଭୋଗୀ ସଂଘ ତଥା ସେମାନଙ୍କର ଜାତୀୟ ସମନ୍ୱୟ ସମିତି ସରକାରଙ୍କ ପାଖରେ ପ୍ରତିବାଦ ଜଣାଇବା ସହ ରାଜ୍ୟ ସଭାର ସଦସ୍ୟମାନେ ଏ ବିଷୟରେ ସରକାରଙ୍କୁ ପଚାରିବାରୁ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରାମନ ଉତ୍ତର ଦେଇଛନ୍ତି, ଅଷ୍ଟମ ବେତନ ଆୟୋଗଙ୍କ ସୁପାରିସ ଯୋଗୁ ୨୦୨୬ରୁ ପେନ୍‌ସନଭୋଗୀଙ୍କ ପେନ୍‌ସନ ସଂଶୋଧନ ଉପରେ ଏହି ବିଲ୍‌ର କୌଣସି ପ୍ରଭାବ ପଡ଼ିବ ନାହିଁ। ଏଠି କହି ରଖିବା ଉଚିତ ହେବ ଯେ ଅଷ୍ଟମ ବେତନ ଆୟୋଗ ଗଠନକୁ ବାରମ୍ବାର ଟାଳି ଦେଉଥିବା କେନ୍ଦ୍ର ସରକାର ୧୬ ଜାନୁଆରୀ ୨୦୨୫ରେ ବେତନ ଆୟୋଗ ଗଠନକୁ ନେଇ ବିନା କ୍ୟାବିନେଟ ଅନୁମୋଦନରେ ଏକ ଖବରଦାତା ସମ୍ମିଳନୀ ମାଧ୍ୟମରେ ଘୋଷଣା କଲେ। ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟ, କ୍ୟାବିନେଟ କିମ୍ବା ଅର୍ଥ ମନ୍ତ୍ରଣାଳୟ ତରଫରୁ କୌଣସି ଆନୁଷ୍ଠାନିକ ପ୍ରେସ୍ ଇସ୍ତାହାର ଏପର୍ଯ୍ୟନ୍ତ ଜାରି କରାଯାଇନାହିଁ। ବର୍ତ୍ତମାନ ସମ୍ପୂର୍ଣ୍ଣ ସର୍ତ୍ତାବଳୀ ସହ ଅଷ୍ଟମ ବେତନ ଆୟୋଗ ଗଠନ ସମ୍ପର୍କିତ ରାଜପତ୍ର ବିଜ୍ଞପ୍ତି ପ୍ରକାଶନକୁ ଅପେକ୍ଷା।




ଏଭଳି ଏକ ଘଡ଼ିସନ୍ଧି ମୁହୂର୍ତ୍ତରେ, ପ୍ରଶ୍ନ ଉଠେ ଯଦି ଅଷ୍ଟମ ବେତନ ଆୟୋଗଙ୍କ ସୁପାରିସ ଲାଗୁ ହେବା ଦିନଠାରୁ କର୍ମଚାରୀଙ୍କ ଅବସର ତାରିଖକୁ ନେଇ ପେନ୍‌ସନଭୋଗୀଙ୍କ ମଧ୍ୟରେ କୌଣସି ପାତରଅନ୍ତର ସୃଷ୍ଟିହେବାର ନାହିଁ, ତେବେ ବିତ୍ତ ବିଧେୟକ ୨୦୨୫ର ଅଂଶବିଶେଷ ଭାବେ ଏଭଳି ବୈଧିକରଣର କି ଆବଶ୍ୟକତା ଥିଲା? ପେନ୍‌ସନ ନୀତିକୁ ନେଇ ସରକାରଙ୍କର ଆଉ କିଛି ଗୁପ୍ତ କାର୍ଯ୍ୟସୂଚୀ ନାହିଁ ତ? କାରଣ ରାଜକୋଷ ଉପରେ ଆର୍ଥିକ ବୋଝର ଦ୍ୱାହି ଦେଇ ସରକାର କର୍ମଚାରୀ ଓ ପେନ୍‌ସନଭୋଗୀଙ୍କ ଉପରେ ଯଥେଷ୍ଟ ଦାଉ ସାଧୁଛନ୍ତି। ଏହାର ଉଦାହରଣ ହେଉଛି ଓପିଏସ୍‌ରୁ ଏନ୍‌ପିଏସ୍ (୨୦୦୪) ଏବଂ ପରେ ୟୁପିଏସ୍ (୨୦୨୫)। ଆନୁଷ୍ଠାନିକ ଭାବେ ୟୁପିଏସ୍ ଲାଗୁ ହେବା ପୂର୍ବରୁ ଏବଂ ଏନ୍‌ପିଏସ୍ ଉପଭୋକ୍ତାଗଣ ଏନ୍‌ପିଏସ୍‌ରେ ରହିବେ କି ୟୁପିଏସ୍‌କୁ ଯିବା ପାଇଁ ମତବ୍ୟକ୍ତ କରିବାକୁ ଦ୍ୱନ୍ଦ୍ୱରେ ଥିବାବେଳେ, ବେତନ ଆୟୋଗଙ୍କ ସୁପାରିସ ଓ କର୍ମଚାରୀଙ୍କ ଅବସର ତାରିଖକୁ ନେଇ ପେନ୍‌ସନଭୋଗୀଙ୍କ ମଧ୍ୟରେ ପ୍ରଭେଦ ସୃଷ୍ଟିର ଉଦ୍ୟମ କର୍ମଚାରୀଙ୍କ ଆଶଙ୍କାକୁ ଦୃଢ଼ୀଭୂତ କରୁଛି।

ସରକାରଙ୍କ ସ୍ପଷ୍ଟୀକରଣ ଓ ବିଜ୍ଞପ୍ତିକୁ ଅପେକ୍ଷା କରିବା ବ୍ୟତୀତ କର୍ମଚାରୀ ଓ ପେନ୍‌ସନଭୋଗୀଙ୍କର ଅନ୍ୟ କୌଣସି ଉପାୟ ନାହିଁ କିମ୍ବା ସେମାନଙ୍କ ସହ ପୂର୍ବରୁ ବାରମ୍ବାର ଯେଭଳି ଘଟଣାମାନ ଘଟିଛି, ସରକାର ଯେ ନିଜର ପ୍ରତିଶ୍ରୁତି ଠିକ ଠାକ ପାଳନ କରିବେ ସେ ବିଶ୍ୱାସ ବି ନାହିଁ। ଲିଖିତ ପ୍ରତିଶ୍ରୁତି ବି ଅଚାନକ ବଦଳିଯାଉଛି। ସେହିଭଳି କେନ୍ଦ୍ର ସରକାରୀ କର୍ମଚାରୀଙ୍କ ପାଇଁ ସପ୍ତମ ବେତନ ଆୟୋଗ ସୁପାରିସ କରିଥିବା ସର୍ବନିମ୍ନ ବେତନକୁ ୧୮୦୦୦ରୁ ୨୬୦୦୦କୁ ବୃଦ୍ଧି ଏବଂ ବେତନ ନିର୍ଦ୍ଧାରଣ ସୂତ୍ରର ସଂଶୋଧନ ପାଇଁ ୧୧ ଜୁଲାଇ ୨୦୧୬ରୁ ଅନିର୍ଦ୍ଦିଷ୍ଟ କାଳ ଧର୍ମଘଟ ହେବ ବୋଲି କର୍ମଚାରୀମାନେ ଯେତେବେଳେ କେନ୍ଦ୍ର ସରକାରଙ୍କୁ ନୋଟିସ ଦେଲେ, କେନ୍ଦ୍ର ଅର୍ଥ ମନ୍ତ୍ରଣାଳୟ ୬ ଜୁଲାଇ ୨୦୧୬ରେ ପ୍ରେସ୍ ଇସ୍ତାହାର ଜାରି କରି ଏକ ଉଚ୍ଚସ୍ତରୀୟ କମିଟି ଜରିଆରେ ପୁଙ୍ଖାନୁପୁଙ୍ଖ ଅନୁଶୀଳନ ସହ ଚାରି ମାସ ଭିତରେ ନିଷ୍ପତ୍ତି ନେବା ପାଇଁ ଘୋଷଣା କଲେ। ସେ ସମୟର ଅର୍ଥମନ୍ତ୍ରୀ ୧୯ ଜୁଲାଇ ୨୦୧୬ରେ ରାଜ୍ୟ ସଭାର ପ୍ରଶ୍ନୋତ୍ତର କାଳରେ ଉତ୍ତର ରଖିଲେ ଯେ ସେଭଳି କୌଣସି ପ୍ରସ୍ତାବ କେନ୍ଦ୍ର ସରକାରଙ୍କ ବିଚାରାଧୀନ ନାହିଁ। ଇତିମଧ୍ୟରେ, ୪ ମାସ ଯାଇ କାଲି ଭଳି ନଅ ବର୍ଷ ପୂରିଯିବ ଏବଂ ଅଷ୍ଟମ ବେତନ ଆୟୋଗର ଗଠନ ପାଇଁ ଘୋଷଣା ସରିଗଲା ପଛେ, ଉଚ୍ଚସ୍ତରୀୟ କମିଟି ଗଠନ ତ ଦୂରର କଥା, ଏଯାଏ ସରକାର କର୍ମଚାରୀଙ୍କର କୌଣସି କଥା ଶୁଣିବା ଅବସ୍ଥାରେ ନାହାନ୍ତି।

ଗୋଟିଏ ଗଣତାନ୍ତ୍ରିକ ଦେଶରେ ଏକ ନିର୍ବାଚିତ ସରକାର ନିଜେ ନିଜର ଲିଖିତ ପ୍ରତିଶ୍ରୁତିକୁ ଅବମାନନା କରିବା ଗଣତନ୍ତ୍ର ପ୍ରତି ଏକ କଠୋର ଉପହାସ କହିଲେ ଅତ୍ୟୁକ୍ତି ହେବନାହିଁ। ତେଣୁ ବିତ୍ତ ବିଧେୟକ ୨୦୨୫କୁ ନେଇ ଏବେ ସରକାର ଯେଉଁ ସ୍ପଷ୍ଟୀକରଣ ଦେଇ ବିଜ୍ଞପ୍ତି ଜାରିକରିବା କଥା କହୁଛନ୍ତି, ସେସବୁ କର୍ମଚାରୀ ଓ ପେନ୍‌ସନଭୋଗୀଙ୍କ ସ୍ୱାର୍ଥକୁ କେତେ ସୁରକ୍ଷିତ ରଖିବ, ସମୟ କହିବ।

**ମୋ: ୯୪୩୭୦୨୨୬୬୯**

## ପାଠକ ଶ୍ରେଷ୍ଠ ବିଚାରକ

### ବିଭାଜନ ନୀତି ଗ୍ରହଣୀୟ ନୁହେଁ

ମହାଶୟ,

ଏକତା ହିଁ ବଳ। ଏକଥା ସର୍ବଜନବିଦିତ। ଆମେ ସମସ୍ତେ ଭାରତର ସନ୍ତାନ। ଏହାର ଗୌରବ ଓ ଅଖଣ୍ଡତାକୁ ବଜାୟ ରଖିବା ଆମର ପ୍ରଧାନ କର୍ତ୍ତବ୍ୟ। ହେଲେ ଅନେକ ଭାରତ ବିପକ୍ଷବାଦୀ ଓ ବାହାର ରାଷ୍ଟ୍ରର କେତେକ ନେତା ଈର୍ଷାନ୍ୱିତ ହୋଇ ଏହାକୁ ବିଭାଜିତ କରିବା ପାଇଁ ନାନାଦି ଦୂରଭିସନ୍ଧିମୂଳକ ଅନ୍ତର୍ଘାତୀ କାର୍ଯ୍ୟମାନ ଚଳାଇଥାନ୍ତି। ସେହିଭଳି ଭାରତଠାରୁ ଅଲଗା ହେବା ପରେ ପାକିସ୍ତାନରେ କେତେକ ଅସନ୍ତୁଷ୍ଟ ଗୋଷ୍ଠୀ ବେଲୁଚିସ୍ଥାନ ସୃଷ୍ଟି ପାଇଁ ପ୍ରଚେଷ୍ଟା ଚଳାଇଛନ୍ତି, ଯାହାଫଳରେ ସେଠାରେ ଖରାପ ପରିସ୍ଥିତି ସୃଷ୍ଟି ହୋଇଛି। ସେହିଭଳି ଆମ ଓଡ଼ିଶାକୁ ଉତ୍କଳ, କଳିଙ୍ଗ ଓ କୋଶଳ ରାଜ୍ୟ କରି ବିଭାଜିତ କରିବା ଆଦୌ ଶୋଭନୀୟ ନୁହେଁ। ଓଡ଼ିଶା ଆମର ଛୋଟ ରାଜ୍ୟ ହେଲେ ତା'ର ମହିମା ଓ ଗରିମାର ପଟାନ୍ତର ନାହିଁ। ଅବଶ୍ୟ ବର୍ତ୍ତମାନ ଅନେକ ବିକାଶମୂଳକ କାର୍ଯ୍ୟ ଗ୍ରହଣ କରାଯାଉଛି। ତଥାପି ଅନେକ ଜିଲାରେ ବିକାଶ ଅପହଞ୍ଚ ଅଛି। ଏହି ପରିପ୍ରେକ୍ଷୀରେ ରାଜନେତା ଓ ବିଜ୍ଞ ବୁଦ୍ଧିଜୀବୀମାନେ ରାଜ୍ୟ ତଥା କେନ୍ଦ୍ର ସରକାରଠାରେ ଚାପ ପକାଇ କାର୍ଯ୍ୟ ହାସଲ କରିବା ଉପଯୁକ୍ତ ମନେହୁଏ। ନଚେତ୍ ପରକୁ ମାନ କରି ଖପରାରେ ଖାଇବା ନ୍ୟାୟ ଭଳି ପ୍ରତ୍ୟୟମାନ ହେବ।

**-ମହେଶ୍ୱର ନାୟକ, ଦୋବନ୍ଧା, ଗୋକୁଆ, କେନ୍ଦ୍ରାପଡ଼ା**

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି-୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୭୫୧୦୧୦
କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail:dharitripress@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

## ଚିରନ୍ତନୀ

ଏ ବନ ଛାୟେ ଯା'ନ୍ତି ଚଳି
ଦିଓଟି ପ୍ରିୟ ସଖୀ
ସହଜ ଗତି ଗ୍ରାମର ବାଳା
ଏ ପଥେ ପାଦ ରଖି।
-(କୁହୁ ପ୍ରାସ)
-କାଳିନ୍ଦୀ ଚରଣ ପାଣିଗ୍ରାହୀ

DSPL-10

ODISHA
NEW OPPORTUNITIES



**ଶ୍ରୀ ନରେନ୍ଦ୍ର ମୋଦୀ**
ପ୍ରଧାନମନ୍ତ୍ରୀ



**ଶ୍ରୀ ମୋହନ ଚରଣ ମାଝୀ**
ମୁଖ୍ୟମନ୍ତ୍ରୀ, ଓଡ଼ିଶା

# ଖୋର୍ଦ୍ଧା ଜିଲ୍ଲାରେ ଶିଳ୍ପ ପ୍ରକଳ୍ପଗୁଡ଼ିକର
# ଉଦ୍‌ଘାଟନ ଓ ଭିତ୍ତିପ୍ରସ୍ତର ସ୍ଥାପନ

## ମୁଖ୍ୟ ଅତିଥି

**ଶ୍ରୀ ମୋହନ ଚରଣ ମାଝୀ**
ମୁଖ୍ୟମନ୍ତ୍ରୀ, ଓଡ଼ିଶା

## ଗରିମାମୟ ଉପସ୍ଥିତି

**ଶ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ**
ମନ୍ତ୍ରୀ, ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା

**ଶ୍ରୀମତୀ ଅପରାଜିତା ଷଡ଼ଙ୍ଗୀ**
ସାଂସଦ, ଭୁବନେଶ୍ୱର

**ଶ୍ରୀ ପ୍ରଶାନ୍ତ ଜଗଦେବ**
ବିଧାୟକ, ଖୋର୍ଦ୍ଧା

**ଶ୍ରୀ ବିଭୁତି ଭୂଷଣ ବଳବନ୍ତରାୟ**
ବିଧାୟକ, ଜଟଣୀ

## ଉଦ୍‌ଘାଟନ ଓ ଭିତ୍ତିପ୍ରସ୍ତର ସ୍ଥାପନ

- ବରୁଣ ବେଭରେଜେସ ଲିମିଟେଡ୍
  ମଳିପଡା, ଖୋର୍ଦ୍ଧା
- ଟ୍ରାଇମେଟ୍ରୋ ଗାରମେଣ୍ଟ୍ସ ଇଣ୍ଡିଆ ପ୍ରାଇଭେଟ୍ ଲିମିଟେଡ୍ (ଏପିକ ଗ୍ରୁପ କମ୍ପାନୀ)
  କାଳିବେତୀ, ଖୋର୍ଦ୍ଧା
- ନେସ୍‌ଲେ ଇଣ୍ଡିଆ ଲିମିଟେଡ୍
  ମୁଣ୍ଡାଆମ୍ବ, ଖୋର୍ଦ୍ଧା
- ଦୀନଦୟାଲ କର୍ମଚାରୀ ଆବାସ ଯୋଜନା ଅନ୍ତର୍ଗତ ଶ୍ରମିକ ଆବାସ ଗୃହ
  କାଳିବେତୀ, ଖୋର୍ଦ୍ଧା
- ମିନୁ କ୍ରିଏସନ୍ ଏଲ୍ ଏଲ୍ ପି
  ନିୟୁ ଟେକ୍ସଟାଇଲ୍ ପାର୍କ, ଅରାଙ୍ଗ, ଖୋର୍ଦ୍ଧା
- ଗୋଲ୍ଡେନ୍ ସିମସ୍ ଇଣ୍ଡଷ୍ଟ୍ରିଜ୍ ପ୍ରାଇଭେଟ୍ ଲିମିଟେଡ୍
  ନିୟୁ ଟେକ୍ସଟାଇଲ୍ ପାର୍କ, ଅରାଙ୍ଗ, ଖୋର୍ଦ୍ଧା
- ସୋନୁ ଏକ୍ସିମ୍ ପ୍ରାଇଭେଟ୍ ଲିମିଟେଡ୍
  ନିୟୁ ଟେକ୍ସଟାଇଲ୍ ପାର୍କ, ଅରାଙ୍ଗ, ଖୋର୍ଦ୍ଧା
- ପୂଜା ଇଣ୍ଟରନ୍ୟାସନାଲ
  ନିୟୁ ଟେକ୍ସଟାଇଲ୍ ପାର୍କ, ଅରାଙ୍ଗ, ଖୋର୍ଦ୍ଧା
- ବି ଏଲ୍ ଇଣ୍ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍
  ନିୟୁ ଟେକ୍ସଟାଇଲ୍ ପାର୍କ, ଅରାଙ୍ଗ, ଖୋର୍ଦ୍ଧା
- ରେନ୍‌ବୋ ଫାବାର୍ଟ ପ୍ରାଇଭେଟ୍ ଲିମିଟେଡ୍
  ନିୟୁ ଟେକ୍ସଟାଇଲ୍ ପାର୍କ, ଅରାଙ୍ଗ, ଖୋର୍ଦ୍ଧା
- ଜୁପିଟର୍ ଟାଟ୍ରାଭଗୋଙ୍କା ରେଲହୁଇଲ୍ ଫ୍ୟାକ୍ଟ୍ରୀ ପ୍ରାଇଭେଟ୍ ଲିମିଟେଡ୍
  ହଳଦୀପଦା, ଖୋର୍ଦ୍ଧା
- ଶାଲିମାର ଗ୍ଲାସ୍ ୱାର୍କ୍ସ ପ୍ରାଇଭେଟ ଲିମିଟେଡ୍
  ହଳଦୀପଦା, ଖୋର୍ଦ୍ଧା
- ପଲିମିରୋର ଇଣ୍ଡିଆ ପ୍ରାଇଭେଟ୍ ଲିମିଟେଡ୍
  ଗୌଡ଼ପୁଟ, ଖୋର୍ଦ୍ଧା
- ଆଇ ଏଫ୍ ଜି ଏଲ୍ ରିଫ୍ରାକ୍ଟୋରିଜ୍ ଲିମିଟେଡ୍
  ଗୌଡ଼ପୁଟ, ଖୋର୍ଦ୍ଧା
- ଭୁବନେଶ୍ୱରୀ ଫୁଡ୍ସ ଆଣ୍ଡ ବେଭରେଜେସ୍ ପ୍ରାଇଭେଟ୍ ଲିମିଟେଡ୍
  ଖଜୁରିଆ, ଖୋର୍ଦ୍ଧା

**୩ ଅପ୍ରେଲ ୨୦୨୫ (ଗୁରୁବାର) । ଦିବା ୧୦ ଘଟିକା । ଖୋର୍ଦ୍ଧା, ଓଡ଼ିଶା**

OIPR-14005/13/0050/2425

ଶିଳ୍ପ ବିଭାଗ, ଓଡ଼ିଶା ସରକାର

## ସଂକ୍ଷେପରେ

### ସ୍ୱାଧୀନତା ଆନ୍ଦୋଳନ ସହ ଉତ୍କଳ ପ୍ରଦେଶ ଗଠନ ଆନ୍ଦୋଳନ ଗତିଶୀଳ ଥିଲା

ଭୁବନେଶ୍ୱର,୨।୪
(ସୌମ୍ୟରଞ୍ଜନ ରାଉତ)

ଶହୀଦନଗର ବରିଷ୍ଠ ନାଗରିକ କେନ୍ଦ୍ରରେ ଓଡ଼ିଶା ଦିବସ ପାଳିତ ହୋଇଯାଇଛି। ଗୌରାଙ୍ଗ ତ୍ରିପାଠୀଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ କେନ୍ଦ୍ରର ସମ୍ପାଦକ ନିଶାକର ରାଉତ କହିଲେ, ୧୯୩୬ ଏପ୍ରିଲ ପହିଲାରେ ଭାଷାଭିତ୍ତିକ ଉତ୍କଳ ପ୍ରଦେଶ ଗଠନ ହୋଇଥିଲା। ସ୍ୱାଧୀନତା ଆନ୍ଦୋଳନ ସହିତ ଉତ୍କଳ ପ୍ରଦେଶ ଗଠନର ଆନ୍ଦୋଳନ ଗତିଶୀଳ ହୋଇଥିଲା। ଓଡିଶାରୁ ଶତାଧିକ କ୍ରାନ୍ତିକାରୀ ସାମିଲ୍ ହୋଇଥିଲେ। ଜନନାୟକ ଫକୀର ମୋହନ ସେନାପତି, ଗୋପବନ୍ଧୁ ଦାସ, ମଧୁସୂଦନ ଦାସ, ହରେକୃଷ୍ଣ ମହତାବ, ଗଙ୍ଗାଧର ମେହର ଓ ପାରଳା ମହାରାଜା ଆଗ୍ରଦୂତ ଥିଲେ। ସ୍ୱତନ୍ତ୍ର ପ୍ରଦେଶ ଗଠନ ହେବାରେ ପ୍ରାୟ ୯୦ବର୍ଷ ବିତିଗଲାଣି, ସମୟ ଆସିଛି ଉତ୍କଳବାସୀ ଚିନ୍ତା କରିବା କଥା ଆମେ ଦେଶକୁ କ'ଣ ଦେଇଛେ ଓ କ'ଣ ପାଇଛେ ବୋଲି ସଭାପତି ଗୌରାଙ୍ଗ ମତବ୍ୟକ୍ତ କରିଛନ୍ତି। ସଭାରେ ସୂର୍ଯ୍ୟ ଭଟ, ରମେଶ ଚନ୍ଦ୍ର ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ଅକ୍ଷୟ ପ୍ରଧାନ ଧନ୍ୟବାଦ ଦେଇଥିଲେ।

### ଅଲେଖଙ୍କୁ ଶ୍ରଦ୍ଧାଞ୍ଜଳି

ପୁରୁଣା ଭୁବନେଶ୍ୱର,୨।୪
(ସୁବାସ ଚନ୍ଦ୍ର ପ୍ରଧାନ)

କୁମାରଡିହ ଅଞ୍ଚଳର ସାମାଜିକ କର୍ମୀ ଅଲେଖ ପ୍ରଧାନଙ୍କ ୧୯ତମ ଶ୍ରାଦ୍ଧବାର୍ଷିକୀରେ ମଙ୍ଗଳବାର ଏକ ଶୋକସଭା ଅନୁଷ୍ଠିତ ହୋଇଯାଇଛି। ଏଥିରେ ଧଉଳିର ସାମାଜିକ କର୍ମୀ ଏବଂ ବିନ୍ଦୁସାଗର ପ୍ରଧାନଙ୍କ ସମେତ ବହୁ ଯୁବକ ଯୋଗଦେଇ ସ୍ୱର୍ଗତ ଅଲେଖଙ୍କ ସ୍ମୃତିଚାରଣ କରିବା ସହ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ। ଏହି ଅବସରରେ ରାମ ମନ୍ଦିର ନିକଟରେ ଏକ ପଂକ୍ତି ଭୋଜନର ଆୟୋଜନ କରାଯାଇଥିଲା। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ହେମନ୍ତ ରାଉତରାୟ ନିତ୍ୟାନନ୍ଦ ନାୟକ ଅର୍ଚ୍ଚନା ଜଗଦ୍ଦେବ ସନ୍ତୋଷ ନାୟକ ରଶ୍ମିରଞ୍ଜନ ବରାଳ ପ୍ରମୁଖ ଉପସ୍ଥିତ ଥିଲେ।

### ବ୍ରାଉନ୍‌ସୁଗାର ବିକ୍ରି କରି ଯୁବକ ଗିରଫ

ଜଟଣୀ,୨।୪(ରବୀନ୍ଦ୍ରନାଥ ମହାକୁଡ଼)

ଜଟଣୀ ଥାନା ଅଞ୍ଚଳରେ ବ୍ରାଉନ୍‌ସୁଗାର ବିକ୍ରି ଅଭିଯୋଗରେ ଜଣେ ବେପାରୀଙ୍କୁ ଜଟଣୀ ପୋଲିସ ଗିରଫ କରିଛି। ସେ ହେଲେ ଜଟଣୀ ଥାନା ଅଧୀନ ନୂଆଗାଁ ଅଞ୍ଚଳର ଅଜୟ ନାୟକ ଓରଫ ନନ୍ଦୁ (୨୬)। ପୋଲିସ ତାଙ୍କଠାରୁ ୧୬ ଗ୍ରାମର ବ୍ରାଉନସୁଗାର ଜବତ କରିଛି। ଏନେଇ ଏକ ମାମଲା (୧୪୭/୨୫)ରୁଜୁ କରି ତଦନ୍ତ ଚଳାଇଛି। ତାଙ୍କ ନାଁରେ ଜଟଣୀ ଥାନାରେ ୨୬ ଅପରାଧିକ ମାମଲା ରହିଥିବା ଜଣାପଡ଼ିଛି।

# ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ସହ ୨ ଏମ୍‌ଓୟୁ ସ୍ୱାକ୍ଷରିତ

ବାରଙ୍ଗ/ତ୍ରିଶୂଳିଆ,୨।୪
(ଲିଙ୍ଗରାଜ ରାଉତ/ତୁଷାରକାନ୍ତ ବେହେରା)


ଏମଓୟୁ ସ୍ୱାକ୍ଷର ଅବସରରେ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ପକ୍ଷରୁ କୁଳପତି ପ୍ରଫେସର ଡ. ତେଜ ପ୍ରତାପ ଓ ଅନ୍ୟମାନେ।

ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ପକ୍ଷରୁ ବୁଧବାର କାନାଡ଼ାର ସଡବେରୀସ୍ଥିତ ଲରେଣ୍ଟିଆନ ୟୁନିଭର୍ସିଟି ଏବଂ ତେଲଙ୍ଗାନାର କର୍ପୋରେଟ ସଂସ୍ଥା 'ଆଭାନ ଇଣ୍ଟେଲେକ୍ଟ ସିଷ୍ଟମ ଲିମିଟେଡ' ସହ ୨ଟି ଏମ୍‌ଓୟୁ ସ୍ୱାକ୍ଷରିତ ହୋଇଛି। ଲରେଣ୍ଟିଆନ ୟୁନିଭର୍ସିଟି ସହ ସ୍ୱାକ୍ଷରିତ ହୋଇଥିବା ଏମ୍‌ଓୟୁ ଦ୍ୱାରା ୨ ବିଶ୍ୱବିଦ୍ୟାଳୟର ମ୍ୟାନେଜମେଣ୍ଟ ଛାତ୍ରୀଛାତ୍ର ଲାଭାନ୍ୱିତ ହେବେ ବୋଲି ଉଭୟ ବିଶ୍ୱବିଦ୍ୟାଳୟ ପକ୍ଷରୁ ସୂଚନା ଦିଆଯାଇଛି। ୟୁନିଭର୍ସିଟି ପକ୍ଷରୁ ଫାକଲ୍ଟି ଅଫ ବିଜନେସ ବିଭାଗର ଡିନ୍ ଡ. ପରୱିନ୍ଦର ଆରୋରାଙ୍କ ନେତୃତ୍ୱରେ ଏକ ୩ ଜଣିଆ ପ୍ରତିନିଧି ମଣ୍ଡଳୀ ଆସିଥିଲେ। ଏହି ଗ୍ରୁପରେ ୟୁନିଭର୍ସିଟିରେ ଷ୍ଟ୍ରାଟେଜି, ରିକ୍ରୁଟମେଣ୍ଟ ଆଣ୍ଡ ପାର୍ଟନରଶିପ ମ୍ୟାନେଜର ବିରେନ ସିଂ ଏବଂ ଅନ୍ୟତମ ପ୍ରତିନିଧି ଆରତି ରାୱତ ପ୍ରମୁଖ ସାମିଲ ଥିଲେ। ଏମ୍‌ଓୟୁ ସମୟରେ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ପକ୍ଷରୁ କୁଳପତି ପ୍ରଫେସର ଡ. ତେଜ ପ୍ରତାପ, କାର୍ମିକ ନିର୍ଦ୍ଦେଶକ ସ୍ୱାମୀ ସତ୍ୟଚୈତନ୍ୟ, ଫାକଲ୍ଟି ଅଫ ମ୍ୟାନେଜମେଣ୍ଟ ଷ୍ଟଡିର ଡିନ୍ ପ୍ରଫେସର ଡ. ବିପ୍ଳବ କୁମାର ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ। ୨ ବିଶ୍ୱବିଦ୍ୟାଳୟ ପକ୍ଷରୁ ସମ୍ପୃକ୍ତ ବିଭାଗର ଡିନ୍‌ମାନେ ଏହି ଏମ୍‌ଓୟୁ ସ୍ୱାକ୍ଷର କରିଥିଲେ। ପରେ ୟୁନିଭର୍ସିଟିରେ ପ୍ରତିନିଧିଙ୍କ ସହ ଛାତ୍ରୀଛାତ୍ରଙ୍କ ଏକ ମତ ବିନିମୟ ଅଧିବେଶନ ଅନୁଷ୍ଠିତ ହୋଇଥିଲା। ଏଥିରେ ଯେଉଁମାନେ ଉଚ୍ଚଶିକ୍ଷା ପାଇଁ ସେଠାକୁ ଯିବାକୁ ଇଚ୍ଛୁକ, ସେମାନଙ୍କୁ ସୁଯୋଗ ପ୍ରଦାନ କରାଯିବ ବୋଲି ଉକ୍ତ ବିଶ୍ୱବିଦ୍ୟାଳୟ ପକ୍ଷରୁ କୁହାଯାଇଥିଲା। ପରେ ଆଭାନ ଇଣ୍ଟେଲେକ୍ଟ ସିଷ୍ଟମ ଲିମିଟେଡ ସହ ଦ୍ୱିତୀୟ ଏମ୍‌ଓୟୁ ସ୍ୱାକ୍ଷରିତ ହୋଇଥିଲା। ଲଜିଷ୍ଟିକ ମ୍ୟାନେଜମେଣ୍ଟରେ ବିବିଏ ପାଠ୍ୟକ୍ରମର ଶୁଭାରମ୍ଭ ଏବଂ ପରିଚାଳନାରେ ସହଯୋଗ କରିବା ହେଉଛି ଏହାର ଉଦ୍ଦେଶ୍ୟ। ଫଳରେ ଏକାଡେମିକ ଶିକ୍ଷା ଓ ବ୍ୟବସାୟିକ କୌଶଳ ସାହାଯ୍ୟରେ ଯୁବପିଢ଼ିକୁ ଉପାର୍ଜନକ୍ଷମ କରାଯାଇପାରିବ। ଏହି ଏମ୍‌ଓୟୁରେ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ପକ୍ଷରୁ କୁଳପତି ପ୍ରଫେସର ଡ. ପ୍ରତାପ, କାର୍ମିକ ନିର୍ଦ୍ଦେଶକ ସତ୍ୟଚୈତନ୍ୟ, ଫାକଲ୍ଟି ଅଫ ମ୍ୟାନେଜମେଣ୍ଟ ଷ୍ଟଡିର ଡିନ୍ ପ୍ରଫେସର ଡ. ବିଶ୍ୱାଳ ଏବଂ ଆଭାନ ଇଣ୍ଟେଲେକ୍ଟ ସିଷ୍ଟମ ଲିମିଟେଡ ପକ୍ଷରୁ ଏହାର ପ୍ରେସିଡେଣ୍ଟ ଖୁଞ୍ଜାମାୟୁନ ଡେଭିଡ ସିଂ, ଅପରେସନ ହେଡ ଏଚ୍. ସ୍ୱରୁପ କୁମାର ପ୍ରମୁଖ ଉପସ୍ଥିତ ଥିଲେ।

## ବିଏମ୍‌ସିର ୧୧ କର୍ମଚାରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



ଭୁବନେଶ୍ୱର,୨।୪(ସୌମ୍ୟରଞ୍ଜନ ରାଉତ)

ଭୁବନେଶ୍ୱର ମହାନଗର ନିଗମ (ବିଏମ୍‌ସି) ରିକ୍ରିଏଶନ କ୍ଲବ ପକ୍ଷରୁ ଅବସର ଗ୍ରହଣ କରିଥିବା ୧୧ଜଣ କର୍ମଚାରୀଙ୍କୁ ବୁଧବାର ସମ୍ବର୍ଦ୍ଧନା ଦିଆଯାଇଛି। ଅତିରିକ୍ତ କମିଶନର ତଥା ବିଏମ୍‌ସି ରିକ୍ରିଏଶନ କ୍ଲବ ଉପାଧ୍ୟକ୍ଷ ଶୁଭେନ୍ଦୁ କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିରିକ୍ତ କମିଶନର ରତ୍ନାକର ସାହୁ ଓ ମୁଖ୍ୟ ଅଡିଟର ସୌଦାମିନୀ ବେହେରା ଉପସ୍ଥିତ ଥିଲେ। ମାର୍ଚ୍ଚ ମାସରେ ଅବସର ଗ୍ରହଣ କରିଥିବା ଏହି କର୍ମଚାରୀଙ୍କ ମଧ୍ୟରେ ୱାର୍ଡ ଅଫିସର ନେତ୍ରାନନ୍ଦ ରଥ, ହେଲପର ଯୋଗେନ୍ଦ୍ର ସାହୁ, ସଫେଇ କର୍ମଚାରୀ ମଞ୍ଜୁଲତା ବେୱା, ବାଇଧର ନାଇକ, ଭିକାରୀ ନାଇକ, ରାଜକିଶୋର ନାଇକ, ଧନୁର୍ଦ୍ଧର ନାଇକ, ଶ୍ରୀଧର ନାଇକ, ଆନନ୍ଦ ନାଇକ ପ୍ରମୁଖ ରହିଛନ୍ତି। ଏମାନଙ୍କୁ ପୁଷ୍ପଗୁଚ୍ଛ, ଉପଢୌକନ ଓ ଉପହାର ପ୍ରଦାନ ପୂର୍ବକ ଅତିଥିମାନେ ସମ୍ବର୍ଦ୍ଧିତ କରିଥିଲେ। ଏଥିସହ ଅବସର ଗ୍ରହଣ କରିଥିବା

**ସମସ୍ତଙ୍କୁ ପ୍ରୋଭିଜନାଲ ପେନସନ ପ୍ରଦାନ**

ସମସ୍ତ କର୍ମଚାରୀଙ୍କୁ ପ୍ରୋଭିଜନାଲ ପେନସନ ପ୍ରଦାନ କରାଯାଇଥିଲା। ୩୦ ବର୍ଷରୁ ଉର୍ଦ୍ଧ୍ୱ ହେବ ଭୁବନେଶ୍ୱର ମହାନଗର ନିଗମ ପାଇଁ କାର୍ଯ୍ୟକରି ଲୋକଙ୍କୁ ସେବା ଯୋଗାଇ ଥିବାରୁ ସେମାନଙ୍କ ଦୀର୍ଘ, ନିରାମୟ ଓ ନିରୋଗ ଜୀବନ କାମନା କରିଥିଲେ ଅତିରିକ୍ତ କମିଶନର ଶୁଭେନ୍ଦୁ ସାହୁ। ବିଏମ୍‌ସି ରିକ୍ରିଏଶନ କ୍ଲବର ସାଧାରଣ ସମ୍ପାଦକ ଶୁଭକାନ୍ତ ପାଢୀ କାର୍ଯ୍ୟକ୍ରମ ସଂଯୋଜନା ଓ ମଞ୍ଚ ପରିଚାଳନା କରିଥିବାବେଳେ ସନ୍ତୋଷ କୁମାର ମହାନ୍ତି, ଅକ୍ଷୟ କୁମାର ସ୍ୱାଇଁ ଓ ସସ୍ମିତା ନାୟକ ସହଯୋଗ କରିଥିଲେ।

## ଓଡ଼ିଶା ଦିବସରେ ରକ୍ତଦାନ ଶିବିର, ଆଲୋଚନାଚକ୍ର

ପୁରୁଣା ଭୁବନେଶ୍ୱର,୨।୪(ସୁବାସ ଚନ୍ଦ୍ର ପ୍ରଧାନ)

ସ୍ଥାନୀୟ ୧୬ଟି ସଙ୍ଗଠନକୁ ଗଠିତ ଆଞ୍ଚଳିକ ମିଳିତ କ୍ରିୟାନୁଷ୍ଠାନ ସମିତି ଦ୍ୱାରା ୯୦ତମ ଓଡ଼ିଶା ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ଏକ ରକ୍ତଦାନ ଶିବିର ବିଏମ୍‌ସି ହସ୍ପିଟାଲର ବ୍ଲଡ ବ୍ୟାଙ୍କ ସହାୟତାରେ ଆୟୋଜିତ ହୋଇଥିଲା। ଶିବିରରୁ ମୋଟ ୩୦ ୟୁନିଟ୍ ରକ୍ତ ସଂଗ୍ରହ ହୋଇଥିଲା। ଶିବିରରେ ମୁଖ୍ୟ ଅତିଥି ରୋଟାରୀ କ୍ଲବ ଅଫ ଭୁବନେଶ୍ୱର ସଭାପତି ଜ୍ଞାନ ରଞ୍ଜନ ରଥ, ସମ୍ମାନିତ ଅତିଥି ଭାବେ ସ୍ଥାନୀୟ କର୍ପୋରେଟର ଶିବନାରାୟଣ ରାୟ ଓ ବ୍ଲଡ ବ୍ୟାଙ୍କ ଡାକ୍ତର କଲ୍ୟାଣ ସରକାର ଯୋଗଦେଇଥିଲେ। ଦ୍ୱିତୀୟ ପର୍ଯ୍ୟାୟରେ ସନ୍ଧ୍ୟା ସମୟରେ ଭୀମଟାଙ୍ଗି ଉନ୍ନୟନ ପରିଷଦ ପରିସରରେ ଏକ ଆଲୋଚନାଚକ୍ର ଆୟୋଜିତ ହୋଇଥିଲା। ମୁଖ୍ୟବକ୍ତା ଭାବେ ଆଞ୍ଚଳିକ ଶିକ୍ଷା ପ୍ରତିଷ୍ଠାନ ସହକାରୀ ପ୍ରଫେସର ଦେବାଶିଷ ମହାପାତ୍ର, ରାଜ୍ୟ ବରିଷ୍ଠ ନାଗରିକ ଫେଡେରେସନ ସାଧାରଣ ସମ୍ପାଦକ ଯୁଗଳ କିଶୋର ସାହୁ, ସ୍ଥାନୀୟ କର୍ପୋରେଟର ରାୟ, ପୂର୍ବତନ ବରିଷ୍ଠ ପ୍ରଶାସକ କୃଷ୍ଣଚନ୍ଦ୍ର ବଡୁ ଓ କାଶୀନାଥ ସାହୁ ଯୋଗଦେଇଥିଲେ। ଏହି ଅବସରରେ ଓଡ଼ିଶୀ ନୃତ୍ୟରେ ମାହାରୀ ସମ୍ମାନପ୍ରାପ୍ତ ଜାହ୍ନବୀ ବେହେରା, ରକ୍ତଦାନରେ ଜୀବନବନ୍ଧୁ ସମ୍ମାନରେ ସମ୍ମାନିତ ଗୋପୀମୋହନ ପଟ୍ଟନାୟକ ଏବଂ କୋଭିଡ ମହାମାରୀ ବିଜୟନୀ ମଧୁସ୍ମିତା ପୃଷ୍ଟିଙ୍କୁ 'ଭୀମଟାଙ୍ଗୀ ଗୌରବ ସମ୍ମାନ'ରେ ସମ୍ମାନିତ କରାଯାଇ ଉତ୍ତରୀୟ, ମାନପତ୍ର ଓ ଟ୍ରଫି ପ୍ରଦାନ କରାଯାଇଥିଲା। ଭୀମଟାଙ୍ଗୀ ବିକାଶ ପରିଷଦ ସଭାପତି ବଂଶୀଧର ପଣ୍ଡା ଧନ୍ୟବାଦ ଦେଇଥିଲେ।

## ଆୟକର ଚିତ୍ତବିନୋଦନ ସଂଘ ପାଳିଲା ଓଡ଼ିଶା ଦିବସ

ଭୁବନେଶ୍ୱର,୨।୪ (ଅନୁରାଧା ମହାରଣା)

ଆୟକର ଚିତ୍ତବିନୋଦନ ସଂଘ ପକ୍ଷରୁ ଓଡ଼ିଶା ଦିବସ ଓ ନୂତନ ବିତ୍ତୀୟ ବର୍ଷର ସ୍ୱାଗତ ସଭା ଆୟକର ଭବନ ପରିସରରେ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଆୟକର ଆୟୁକ୍ତ ତଥା ଆୟକର ଚିତ୍ତ ବିନୋଦନ ସଂଘ ସଭାପତି ସରୋଜ କୁମାର ମହାପାତ୍ର ଏଥିରେ ସଭାପତିତ୍ୱ କରିଥିଲେ। ବିଭାଗରେ କାର୍ଯ୍ୟରତ ଅଧିକାରୀ ଓ କର୍ମଚାରୀଙ୍କ ସମେତ ଅବସରପ୍ରାପ୍ତ ଅଧିକାରୀ ଓ କର୍ମଚାରୀମାନେ ଉପସ୍ଥିତ ଥିଲେ। ସାମାଜିକ କର୍ମୀ ମଧୁସ୍ମିତା ପୃଷ୍ଟି ଓ ପ୍ରଦୀପ କୁମାର ପୃଷ୍ଟି, ନିବେଦିତା ଲେଙ୍କା ଅତିଥି ଭାବେ ଯୋଗଦେଇଥିଲେ। ଉଲ୍ଲେଖନୀୟ ସମାଜସେବା ପାଇଁ ସମସ୍ତଙ୍କୁ ସମ୍ମାନିତ କରାଯାଇଥିଲା। ଏହାସହ ବିଭିନ୍ନ ବିଭାଗରେ ପାରଦର୍ଶିତା ଲାଭକରି ଥିବା ଅଧିକାରୀ ଓ କର୍ମଚାରୀଙ୍କୁ ସମ୍ମାନିତ କରାଯାଇଥିଲା। ସାଂସ୍କୃତିକ କାର୍ଯ୍ୟକ୍ରମରେ ଗୋଟିପୁଅ ଓ ସମ୍ବଲପୁରୀ ନୃତ୍ୟ ପରିବେଷଣ ହୋଇଥିଲା। ସଂଘ ସମ୍ପାଦକ ତହସିଲ ଭୋଇ ସଂଯୋଜନା କରିଥିବାବେଳେ ସୌମ୍ୟରଞ୍ଜନ ସାହୁ ଧନ୍ୟବାଦ ଦେଇଥିଲେ।

## ଫିକି ଫ୍ଲୋ ଭୁବନେଶ୍ୱର ଚାପ୍ଟର ପକ୍ଷରୁ ଓଡ଼ିଶା ଦିବସ



କାର୍ଯ୍ୟକ୍ରମରେ ଫିକି ଫ୍ଲୋର କର୍ମକର୍ତ୍ତାମାନେ।

ଭୁବନେଶ୍ୱର,୨।୪ (ଅନୁରାଧା ମହାରଣା)

ଫିକି ଫ୍ଲୋ ଭୁବନେଶ୍ୱର ଚାପ୍ଟର ପକ୍ଷରୁ ଓଡ଼ିଶା ଦିବସ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଡା. ପ୍ରଜ୍ଞା ପାରମିତା ମିଶ୍ର, ପଞ୍ଚମୀ ମନୁ ଉକୀଲ, ବିୟତପ୍ରଜ୍ଞା ତ୍ରିପାଠୀ, ଧରିତ୍ରୀ ପଟ୍ଟନାୟକ, ସୁନୀତା ମହାନ୍ତି, ନମ୍ରିତା ଚହଲ, ପୁନମ ମହାପାତ୍ର, ରତ୍ନମାଳା ସ୍ୱାଇଁ ପ୍ରମୁଖ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଓଡ଼ିଶା ଗଠନ ଉପରେ ବିୟତପ୍ରଜ୍ଞା ମତ ଦେଇଥିବାବେଳେ ପଞ୍ଚମୀ ମନୁ ଉକୀଲ ସ୍ୱରଚିତ ପୁସ୍ତକରୁ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଗୋପନଲୀଳା ସମ୍ପର୍କରେ କହିଥିଲେ। କମିଟି ସଦସ୍ୟା ମମସା ଜେନା, ଚିତ୍ରା ଗର୍ଗ ଓ ତନବୀ ହଂସ ଅଭିଭାଷଣ ରଖିଥିଲେ।

## ଅଟିଜିମ ଏକ ସ୍ନାୟବିକ ବିକାଶଜନିତ ବିକାର

ପୁରୁଣା ଭୁବନେଶ୍ୱର,୨।୪(ସୁବାସ ଚନ୍ଦ୍ର ପ୍ରଧାନ)

ବିଶ୍ୱ ଅଟିଜିମ ସଚେତନତା ଦିବସ ଉପଲକ୍ଷେ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଆଶ୍ରୟ ପକ୍ଷରୁ ଭୀମେଶ୍ୱର ମନ୍ଦିର ପାର୍କ ପରିସରରେ ଏକ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ବରିଷ୍ଠ ନାଗରିକ ମଞ୍ଚ ସଭାପତି ଗଣେଶ କୁମାର ପ୍ରଧାନ ଏଥିରେ ସଭାପତିତ୍ୱ କରିଥିଲେ। ସ୍ଥାନୀୟ କର୍ପୋରେଟର ଶିବନାରାୟଣ ରାୟ ମୁଖ୍ୟବକ୍ତା ଭାବେ ଯୋଗଦେଇ ଅଟିଜିମ ଓ ତାର ନିରାକରଣ ସମ୍ପର୍କରେ ବିଷଦ ଆଲୋଚନା କରିଥିଲେ। ଆଶ୍ରୟ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶିକା ନମିତା ସାହୁ ଏବଂ ଡାକ୍ତର ପ୍ରେମାଞ୍ଜଳି ସାମନ୍ତରାୟ କହିଥିଲେ, ଏହା ଏକ ସ୍ନାୟବିକ ବିକାଶ ଜନିତ ବିକାର। ରୋଗ ନୁହେଁ। ପ୍ରଥମରୁ ଯଦି ଠିକ୍ ମାର୍ଗରେ ପିଲାଙ୍କ ଚିକିତ୍ସା କରାଯାଇ ପାରିବ, ତେବେ ସେମାନେ ସାଧାରଣ ପିଲାଙ୍କ ପରି ଆଚରଣ କରିପାରିବେ ଓ ମୁଖ୍ୟସ୍ରୋତରେ ସାମିଲ ହୋଇପାରିବେ ବୋଲି କହିଥିଲେ। ସାମାଜିକ କର୍ମୀ ଗୋପୀମୋହନ ପଟ୍ଟନାୟକ, ଧ୍ରୁବ ପାତ୍ର, ସଂଘର ଅନ୍ୟତମ ସମ୍ପାଦକ ଶଙ୍କର ମହାପାତ୍ର ଓ ବସନ୍ତ କୁମାର ନାୟକ ଉପସ୍ଥିତ ଥିଲେ। ଅନୁଷ୍ଠାନ ସଂଯୋଜିକା ଗୀତାଞ୍ଜଳି ମହାପାତ୍ର ଅତିଥି ପରିଚୟ ଦେଇଥିଲେ। ସାମାଜିକ କର୍ମୀ ଦେବସ୍ମିତା ପ୍ରଧାନ ଓ ଅରୁପା ଗୌଡ଼ ସମସ୍ତଙ୍କୁ ଫଳ ବାଣ୍ଟିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଶିଷ୍ଟ ସାମାଜିକ କର୍ମୀ ଶଙ୍କର ସାହୁ ଓ ପଦ୍ମନାଭ ଷଡ଼ଙ୍ଗୀ, ବିଶ୍ୱନାଥ ବେହେରା, ମାମା ସାହୁ, ନିରଞ୍ଜନ ବେହେରା, ସୁଧାଂଶୁ ଶେଖର ହରିଚନ୍ଦନ, ଗୌରହରି ପଣ୍ଡା, ମଦନମୋହନ ଦାଶ, ସୀତାଂଶୁ ଶେଖର ବାବୁ, ହୃଦାନନ୍ଦ ଦାସ, ବିଶ୍ୱନାଥ ଚଇନୀ ପ୍ରମୁଖ ଉପସ୍ଥିତ ଥିଲେ।

## ଶିଶୁ ବାଟିକା, ଖଡ଼ି ଛୁଆଁ କାର୍ଯ୍ୟକ୍ରମ

### ଆଚାର୍ଯ୍ୟ ହରିହର ଉଚ୍ଚ ବିଦ୍ୟାଳୟ, ସରସ୍ୱତୀ ଶିକ୍ଷା ମନ୍ଦିର

ବାଲିଅନ୍ତା,୨।୪(ନୀଳମାଧବ ସାହୁ)

ବାଲିଅନ୍ତା ବ୍ଲକର ବେଣ୍ଟପୁରସ୍ଥିତ ଆଚାର୍ଯ୍ୟ ହରିହର ସରକାରୀ ଉଚ୍ଚବିଦ୍ୟାଳୟରେ ବୁଧବାର ଶିଶୁ ବାଟିକା ଶ୍ରେଣୀର ଶୁଭାରମ୍ଭ ହୋଇଯାଇଛି। ଏହି ଅବସରରେ ପ୍ରବେଶ ଉତ୍ସବ ଓ ଖଡ଼ି ଛୁଆଁ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଶିଶୁ ବାଟିକାରେ ନାମ ଲେଖାଇଥିବା ୨୨ ଜଣ ଛାତ୍ରୀଛାତ୍ରଙ୍କୁ ଫୁଲ ଚନ୍ଦନ ଦେଇ ସ୍ୱାଗତ କରାଯାଇଥିଲା। ଶିକ୍ଷକ ମାନସ ରଞ୍ଜନ ଦାଶ ସମସ୍ତ ଛାତ୍ରୀଛାତ୍ରଙ୍କୁ ଖଡ଼ି ଛୁଆଁଇଥିଲେ। ଏହି ଉପଲକ୍ଷେ ବିଦ୍ୟାଳୟ ପରିସରରେ ଏକ ସଭା ପ୍ରଧାନ ଶିକ୍ଷକ ଗଣେଶ କରଣଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଥିଲା। ମୁଖ୍ୟ ଅତିଥି ରୂପେ ସ୍ଥାନୀୟ ସରପଞ୍ଚ ହୃଷୀକେଶ ପାତ୍ର ଓ ସମ୍ମାନିତ ଅତିଥି ରୂପେ ସ୍କୁଲ ପରିଚାଳନା କମିଟି ସଭାପତି ମାନସ ରଞ୍ଜନ ମହାପାତ୍ର, ଆଲୁମ୍ନି କମିଟି ସମ୍ପାଦକ ନୃସିଂହ ଚରଣ ଜେନା ଓ ବରିଷ୍ଠ ଶିକ୍ଷକ ଜମ୍ୱେଶର ରଥ ପ୍ରମୁଖ ଯୋଗଦେଇଥିଲେ। ମଞ୍ଚକୁ ପ୍ରମୋଦ କୁମାର ଖୁଣ୍ଟିଆ ପରିଚାଳନା କରିଥିଲେ। ଏହି ଅବସରରେ ସମସ୍ତ ନୂତନ ଶିକ୍ଷାର୍ଥୀଙ୍କୁ ଆଇ କାର୍ଡ ଓ ଶିକ୍ଷଣ ସାମଗ୍ରୀ ପ୍ରଦାନ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଶିକ୍ଷଣ ସାମଗ୍ରୀର ଷ୍ଟଲ ପ୍ରଦର୍ଶିତ ହୋଇଥିଲା।

ସେହିପରି ସ୍ଥାନୀୟ ନହରକଣ୍ଟାସ୍ଥିତ ସରସ୍ୱତୀ ଶିକ୍ଷା ମନ୍ଦିର ପରିସରରେ ଶିଶୁ ପ୍ରବେଶ ଓ ଖଡ଼ି ଛୁଆଁ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପ୍ରାରମ୍ଭରେ ଶିକ୍ଷାନୁଷ୍ଠାନ ପକ୍ଷରୁ ହୋମଯଜ୍ଞର ଆୟୋଜନ ହୋଇଥିଲା। ପରେ ସଂସ୍କୃତ ପଣ୍ଡିତ ଗୋକୁଳାନନ୍ଦ ରଥ ନବାଗତ ଶିଶୁଙ୍କୁ ଫୁଲ ଚନ୍ଦନ ଦେଇ ସ୍ୱାଗତ କରିଥିଲେ। ବିଦ୍ୟାଳୟ ପ୍ରତିଷ୍ଠାତା ସମ୍ପାଦକ ସୁରେନ୍ଦ୍ର କୁମାର ଖୁଣ୍ଟିଆ ଏଥିରେ ତତ୍ତ୍ୱାବଧାନ କରିଥିଲେ।

## ରାଜଭବନ ସରକାରୀ ଉପ୍ରା ବିଦ୍ୟାଳୟ


ଶିଶୁ ବାଟିକାରେ ନାମ ଲେଖାଇଥିବା ପିଲାଙ୍କୁ ଶିକ୍ଷୟିତ୍ରୀମାନେ ଖଡ଼ି ଛୁଆଁଉଛନ୍ତି।

ଭୁବନେଶ୍ୱର,୨।୪ (ସୁଚିସ୍ମିତା ସାହୁ)

ରାଜଭବନ ପରିସରରେ ଥିବା ରାଜଭବନ ସରକାରୀ ଉପ୍ରା ବିଦ୍ୟାଳୟରେ 'ଶିଶୁ ବାଟିକା' ପିଲାଙ୍କ ପାଇଁ ପ୍ରବେଶ ଉତ୍ସବ ଓ ଖଡ଼ି ଛୁଆଁ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ପ୍ରମୁଖ ସଚିବ ଉଷା ପାଢୀ ଯୋଗଦେଇ ପିଲାଙ୍କୁ ସିଲଟରେ ଶୂନ ଆଙ୍କି ଘଡିଛୁଆଁ କରାଇଥିଲେ। ଛୋଟ ପିଲାଙ୍କ ମାନସିକତାକୁ ଦୃଷ୍ଟିରେ ରଖି ଏଭଳି ନିଆରା କାର୍ଯ୍ୟକ୍ରମ କରାଯାଇଛି। ପାଠ ପଢା ଆରମ୍ଭ ଦିନରେ ପିଲାମାନେ ବହୁତ ଖୁସି ଅଛନ୍ତି। ଏହି ଶିଶୁ ବାଟିକା ରାଜ୍ୟରେ ପ୍ରାଥମିକ ଶିକ୍ଷାଦାନ କ୍ଷେତ୍ରକୁ ସୁଦୃଢ କରିବ। ଆଗାମୀ ଦିନରେ ପିଲାମାନେ ଏକ ସୁନ୍ଦର ଓ ମନୋଜ୍ଞ ପରିବେଶରେ ପାଠ ପଢିବେ ବୋଲି ସଚିବ ପାଢ଼ୀ କହିଥିଲେ।

## ଧାନହରା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ

**ବାଲିପାଟଣା,୨।୪(ଅଭିମନ୍ୟୁ ନାୟକ):** ଧାନହରା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ବୁଧବାର ବ୍ଲକସ୍ତରୀୟ ବିଦ୍ୟାଳୟ ପ୍ରବେଶ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବ୍ଲକ ଶିକ୍ଷାଧିକାରୀ ବିଜୟ କୁମାର ବେହେରା ଅଧ୍ୟକ୍ଷତା କରିଥିଲେ। ଅତିଥି ଭାବେ ବ୍ଲକ ଚେୟାରମ୍ୟାନ ହରପ୍ରିୟା ଦାସ, ବିଡିଓ ସ୍ମୃତିପ୍ରଜ୍ଞା ପ୍ରିୟଦର୍ଶିନୀ, ଜିଲା ପରିଷଦ ସଭ୍ୟ ଗଙ୍ଗାଧର ମଲ୍ଲିକ, ସରପଞ୍ଚ ପ୍ରତିମା ଜେନା, ସମିତି ସଭ୍ୟା ସବିତା ସେନାପତି, ସାମାଜିକ କର୍ମୀ କିଶୋର ଜେନା, ସିଡିପିଓ ରୁନୁବାଳା ସାହୁ, ଏବିଇଓ ଯଶୋଦା ସାହୁ ଓ ପ୍ରେସ୍ କ୍ଲବ ସଭାପତି ଦିଲ୍ଲୀପ କୁମାର ଓଝା ପ୍ରମୁଖ ଯୋଗଦେଇ ଛାତ୍ରୀଛାତ୍ରଙ୍କୁ ଖଡ଼ି ଛୁଆଇଥିଲେ। ପିଲାଙ୍କୁ ପଠନ ସାମଗ୍ରୀ ଦିଆଯାଇଥିଲା। ଏବିଇଓ ମଞ୍ଜୁଲତା ରାଉତ ପରିଚାଳନା ଓ ପ୍ରଧାନ ଶିକ୍ଷକ ବଳରାମ ପଣ୍ଡା, ସିଆର୍‌ସିସି ଝୁନି ଦେଇ ଓ ମମିତା ଦଳାଇ ସହଯୋଗ କରିଥିଲେ।

## ପ୍ରବାସୀ ଓଡିଆ ପତ୍ରିକା 'ପ୍ରତିବେଶୀ' ଉନ୍ମୋଚିତ


କୋଲ୍‌କାତାରେ ଓଡ଼ିଶା ଦିବସ ପାଳନ ଅବସରରେ ଯୋଗଦେଇଥିବା ଅତିଥି।

ଭୁବନେଶ୍ୱର,୨।୪ (ସୌମ୍ୟରଞ୍ଜନ ରାଉତ)

କୋଲ୍‌କାତାର ପୁରାତନ ଓଡ଼ିଆ ଅନୁଷ୍ଠାନ ଉତ୍କଳ ଶିକ୍ଷା ସଂସଦ ପକ୍ଷରୁ ରବୀନ୍ଦ୍ର ସଦନଠାରେ ଓଡ଼ିଶା ଦିବସ ପାଳିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ପଦ୍ମଶ୍ରୀ ଘୋଷିତ ଡା. ଅଶୋକ ମହାପାତ୍ର ଯୋଗଦେଇ ଓଡିଆଙ୍କ ଖାଦ୍ୟ ପ୍ରଣାଳୀ ଓ ଜୀବନ ଶୈଳୀ ସୁସ୍ଥ ରହିବାର ଶ୍ରେଷ୍ଠ ଉପାୟ ବୋଲି କହିବା ସହ ଓଡ଼ିଆ ପିଲାଙ୍କ ଶିକ୍ଷା ପାଇଁ ଉତ୍କଳ ଶିକ୍ଷା ସଂସଦର ମାଗଣା ଛାତ୍ରାବାସ ବ୍ୟବସ୍ଥାର ପ୍ରଶଂସା କରିଥିଲେ। ଉତ୍ସବରେ ସଂସଦ ଅଧ୍ୟକ୍ଷ ଦେବୀ ପ୍ରସାଦ ପାତ୍ର, ପଶ୍ଚିମବଙ୍ଗ ସରକାରଙ୍କ ଭିଜିଲାନ୍ସ ବିଭାଗର ମୁଖ୍ୟ ଆୟୁକ୍ତ ତଥା ସଂସଦ ସଭାପତି ଅଜିତ୍ ରଞ୍ଜନ ବର୍ଦ୍ଧନ, ଉପସଭାପତି ପୀତାମ୍ବର ବାରିକ, ସୁଦର୍ଶନ ଜେନା ଏବଂ ସଂସଦର ସମ୍ପାଦକ ରବୀନ୍ଦ୍ର କୁମାର ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ୨ୟ ପ୍ରବାସୀ ଓଡିଆ ପତ୍ରିକା 'ପ୍ରତିବେଶୀ' ଉନ୍ମୋଚନ ହୋଇଥିଲା।

## ଫଟୋରେ ଖବର



କଳାଶ୍ରୀ ଏକାଡେମୀ ବଲାଙ୍ଗୀର ପକ୍ଷରୁ ବୁଧବାର ଭୁବନେଶ୍ୱର ସୂଚନା ଭବନରେ ଅନୁଷ୍ଠିତ ଅଷ୍ଟାଦଶ ସର୍ବଭାରତୀୟ ଯୋଗିନୀ ମହୋତ୍ସବ 'ଝରିଏଲ୍'ରେ ଶିଳ୍ପୀମାନେ ବାଦ୍ୟ ସଙ୍ଗୀତ ଗାନ କରୁଛନ୍ତି।


ବିଭିନ୍ନ ଦାବି ନେଇ ଓଡ଼ିଶା ଡ୍ରାଇଭର ମହାସଂଘ ପକ୍ଷରୁ ବୁଧବାର ଭୁବନେଶ୍ୱର ଲୋୟର ପିଏମ୍‌ଜିରେ ବିକ୍ଷୋଭ। (ଫଟୋ– ବିକାଶ ନାୟକ)

## ସଂକ୍ଷେପରେ

### ବାଙ୍କୀ ଓକିଲ ସଂଘ ନୂତନ କର୍ମକର୍ତ୍ତାଙ୍କ ଶପଥ ଗ୍ରହଣ

ବାଙ୍କୀ,୨।୪(ଜ୍ଞାନେନ୍ଦ୍ର ମୋହନ ମିଶ୍ର): ବାଙ୍କୀ ଓକିଲ ସଂଘ ନୂତନ କର୍ମକର୍ତ୍ତାଙ୍କ ଶପଥ ଗ୍ରହଣ ଉତ୍ସବ ବୁଧବାର ସଂଘ କାର୍ଯ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ନିର୍ବାଚନ ଅଧିକାରୀ ଆଇନଜୀବୀ ରଘୁନାଥ ପୃଷ୍ଟି ନବନିର୍ବାଚିତ ସଭାପତି ଧୀରେନ୍ କୁମାର ମଙ୍ଗରାଜ, ଉପସଭାପତି ସରୋଜ ମଉଗଜସିଂହ, ସମ୍ପାଦକ ଶୁଭାଶିଷ ମହାପାତ୍ର, ସହସମ୍ପାଦକ ଅମୂଲ୍ୟ କୁମାର ପ୍ରଧାନ, କୋଷାଧ୍ୟକ୍ଷ ପ୍ରଦୀପ କୁମାର ମିଶ୍ରଙ୍କୁ ଶପଥପାଠ କରାଇଥିଲେ। ଏଥିରେ ବାଙ୍କୀ ଓକିଲ ସଂଘର ବରିଷ୍ଠ ଓକିଲ ସୁବାସ ଚନ୍ଦ୍ର ମିଶ୍ର, ଶ୍ରୀନିବାସ ମହାପାତ୍ର, ସନ୍ତୋଷ କୁମାର ରଣା, ପ୍ରଦୀପ କୁମାର ପୃଷ୍ଟିଙ୍କ ସମେତ ବହୁ ଓକିଲ ଯୋଗଦେଇ ନବନିର୍ବାଚିତ କର୍ମକର୍ତ୍ତାଙ୍କୁ ଅଭିନନ୍ଦନ ଜଣାଇଥିଲେ।V

### ଛାତ୍ର, ଯୁବକ ଓଡ଼ିଆ ଭାଷା ଆନ୍ଦୋଳନର କଥା ଅଧ୍ୟୟନ କରନ୍ତୁ

### ଆଠଗଡ଼ ବିଜେଡି ପକ୍ଷରୁ ଓଡ଼ିଶା ଦିବସ

ଆଠଗଡ଼, ୨।୪(ସତ୍ୟ ପ୍ରସାଦ ରଥ) ଆଠଗଡ଼ ବିଜୁ ଯୁବ-ଛାତ୍ର ବିଜେଡି ଆନୁକୂଲ୍ୟରେ ସହରର ପୁରୁଣା ବସ୍‌ଷ୍ଟାଣ୍ଡସ୍ଥିତ ଲକ୍ଷ୍ମୀ ବଜାର ମଣ୍ଡପରେ ଓଡ଼ିଶା ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ସକାଳୁ ଆଠଗଡ଼ ଏନ୍‌ଏସି ଅଧ୍ୟକ୍ଷା ସସ୍ମିତା ରାଉତ, ଉପାଧ୍ୟକ୍ଷ ବି. ଶୁଭ୍ର ଶଙ୍କର ଜ୍ୟୋତି, ବରିଷ୍ଠ ନେତା ଲଳିତେନ୍ଦୁ ସେନାପତି ଓ କାଉନ୍‌ସିଲରମାନେ ସହରର ମୁଖ୍ୟସ୍ଥାନରେ ଥିବା ବରପୁତ୍ରମାନଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ। ପରେ ସନ୍ଧ୍ୟାରେ ଆଠଗଡ଼ ସହରରୁ ଏକ ମଶାଲ ଶୋଭାଯାତ୍ରା ରଥଗଡ଼ା ଛକରୁ ବାହାରି ସହରର ମୁଖ୍ୟରାସ୍ତା ଦେଇ ପୁରୁଣା ବସ୍‌ଷ୍ଟାଣ୍ଡସ୍ଥିତ ଲକ୍ଷ୍ମୀବଜାର ମଣ୍ଡପଠାରେ ପହଞ୍ଚିଥିଲା। ଏଠାରେ ଛାତ୍ର ବିଜେଡି ସଭାପତି ସତ୍ୟପ୍ରିୟ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ମୁଖ୍ୟ ଅତିଥି ରୂପେ ଯୋଗଦେଇ ରାଜ୍ୟର ହୃତ୍ ଗୌରବର ପୁନରୁତ୍ଥାନ ପାଇଁ ଯୁବକ, ଛାତ୍ରମାନେ ଓଡ଼ିଶାର ଗରିମାମୟ ଇତିହାସ ଓ ଭାଷା ଆନ୍ଦୋଳନର କଥାକୁ ଅଧ୍ୟୟନ କରନ୍ତୁ ବୋଲି କହିଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ନେତା ରଞ୍ଜନ ଆଚାର୍ଯ୍ୟ, ଜିଲା ପରିଷଦ ସଭ୍ୟ ବଳଭଦ୍ର ବାଘ ସମେତ କାଉନ୍‌ସିଲର ସିପ୍ରା ଦାଶ, ମମତା ଦାସ, ପୂର୍ବତନ ଏନ୍‌ଏସି ଅଧ୍ୟକ୍ଷ ରମେଶ ଚନ୍ଦ୍ର ଘଡ଼େଇ ପ୍ରମୁଖ ଯୋଗଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରଦୀପ୍ତ ଦାସ, ତିଗିରିଆ ବ୍ଲକ ଜିଲା ପରିଷଦ ସଭ୍ୟ ସଞ୍ଜୟ ମଲ୍ଲିକ, ଆଠଗଡ଼ ଏନ୍‌ଏସି ବିଜେଡି ସଭାପତି ଶିଶିର ପ୍ରସାଦ ମାନସିଂହ ପ୍ରମୁଖ ଯୋଗଦେଇଥିଲେ।

# ବନ୍ଦ ସ୍କୁଲରେ ଶିଶୁଙ୍କୁ ଖଡ଼ି ଛୁଆଁଇବାକୁ ଅଡ଼ିବସିଲେ ଅଭିଭାବକ

- ବିଳମ୍ବିତ ରାତିରେ ଅଟକ ସିଆର୍‌ସିସି, ପ୍ରଧାନ ଶିକ୍ଷକଙ୍କୁ ଛାଡ଼ିଲେ
- ବିଧାୟକଙ୍କ ପ୍ରତିଶ୍ରୁତି ପରେ ଧାରଣାରୁ ହଟିଲେ ଗ୍ରାମବାସୀ

ନିଶ୍ଚିନ୍ତକୋଇଲି, ୨।୪ (ଅଶୋକ କୁମାର ମହାପାତ୍ର): ରାଜ୍ୟର ବିଭିନ୍ନ ବିଦ୍ୟାଳୟରେ ଶିଶୁଙ୍କ ନାମଲେଖା ସହ ଖଡ଼ିଛୁଆଁ ଉତ୍ସବ ବୁଧବାର ପାଳିତ ହୋଇଯାଇଛି। ହେଲେ କଟକ ଜିଲା ନିଶ୍ଚିନ୍ତକୋଇଲି ବ୍ଲକ କାଳିଆବୁଦା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ବନ୍ଦ ରହିଥିବା ବେଳେ ବୁଧବାର ଅଭିଭାବକମାନେ ଆସି ଶିଶୁଙ୍କୁ ଖଡ଼ି ଛୁଆଁଇବାକୁ ଅଡ଼ି ବସିଥିଲେ। କିନ୍ତୁ ଦାୟିତ୍ୱରେ ଥିବା ପ୍ରଧାନ ଶିକ୍ଷକ ନାମଲେଖା ୪ ବର୍ଷ ହେବ ବନ୍ଦ ରହିଥିବାରୁ ହୋଇପାରିବ ନାହିଁ ବୋଲି ମନାକରି ଦେଇଥିଲେ। ଏଥିରେ ଉତ୍ୟକ୍ତ ହୋଇ ଅଭିଭାବକ ପ୍ରଧାନ ଶିକ୍ଷକ ଓ ସିଆର୍‌ସିସିଙ୍କୁ ଅଟକ ରଖିଥିଲେ। ପିଲାଙ୍କ ଖଡ଼ିଛୁଆଁ ଲାଗି ଅଡ଼ିବସି ବିଦ୍ୟାଳୟ ଆଗରେ ସରପଞ୍ଚ ଜୟନ୍ତୀ ଜେନା, ୱାର୍ଡସଭ୍ୟ ସ୍ୱପ୍ନା ନାୟକ, ଅନ୍ନପୂର୍ଣ୍ଣା ସାହୁ, ସସ୍ମିତା ଲେଙ୍କା, ସୁଜାତା ନାୟକ, ପୂର୍ବତନ ସରପଞ୍ଚ କୈଳାସ ସାମନ୍ତରାୟ, ବୈଷ୍ଣବ ଚରଣ ପ୍ରତିହାରୀ, ବାବାଜୀ ଚରଣ ଜେନା, ସୌମ୍ୟରଞ୍ଜନ ଲେଙ୍କା ପ୍ରମୁଖ ଧାରଣା ଦେଇଥିଲେ। ପୂର୍ବରୁ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ଗାଁରେ ଥିବା ବିଦ୍ୟାଳୟ ବନ୍ଦ ନ କରିବା ପାଇଁ ଗ୍ରାମବାସୀ ଜଣାଇଥିଲେ। ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରୁ ଏହାର ସମାଧାନ ଲାଗି କଟକ ଜିଲା ଶିକ୍ଷା ଅଧିକାରୀଙ୍କ ପାଖକୁ ଚିଠି ଆସିଥିଲା। ହେଲେ ଏହି ଚିଠି ୨୦୨୪ ଡିସେମ୍ବର ୧୬ରୁ ଆସି ଜିଲା ଶିକ୍ଷା ଅଧିକାରୀଙ୍କ ନିକଟରେ ଅଟକିରହିଛି ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏହାକୁ ନେଇ ବିଦ୍ୟାଳୟରେ ଉତ୍ତେଜନା ଲାଗିରହିଥିବାରୁ ନିଶ୍ଚିନ୍ତକୋଇଲି ଥାନା ପକ୍ଷରୁ ପୋଲିସ ମୁତୟନ ହୋଇଛି।

ସୂଚନା ଅନୁଯାୟୀ, ନିଶ୍ଚିନ୍ତକୋଇଲି ବ୍ଲକ ବାଲିଆପଦା ପଞ୍ଚାୟତ ତେନ୍ତୁଲପୁର କାଳିଆବୁଦା ସରକାରୀ ପ୍ରାଥମିକ ବିଦ୍ୟାଳୟ ୬୪ ବର୍ଷ ପୂର୍ବେ ସ୍ଥାପନ ହୋଇଥିଲା। ଆବଶ୍ୟକ ଛାତ୍ରୀଛାତ୍ର ନ ଥିବା କାରଣରୁ ୪ ବର୍ଷ ତଳେ ସରକାରଙ୍କ ପକ୍ଷରୁ ବିଦ୍ୟାଳୟକୁ ବନ୍ଦ କରିବାକୁ ନିର୍ଦ୍ଦେଶ ଆସିଥିଲେ ହେଁ ତାହା ବନ୍ଦ ହୋଇ ନ ଥିଲା। ଏହି ବିଦ୍ୟାଳୟରେ ପ୍ରଥମରୁ ୫ ପଞ୍ଚମ ପର୍ଯ୍ୟନ୍ତ ପିଲା ପାଠ ପଢୁଥିଲେ। ଚଳିତବର୍ଷ ପଞ୍ଚମରେ ପଢୁଥିବା ୬ ଜଣ ପିଲା ପାସ୍ ହୋଇ ଅନ୍ୟତ୍ର ପଢ଼ିବାକୁ ଯାଇଛନ୍ତି। ଏବେ ୪ର୍ଥରେ ପଢୁଥିବା ଜଣେ ପିଲା ପଞ୍ଚମକୁ ଉତ୍ତୀର୍ଣ୍ଣ ହୋଇଛନ୍ତି। ତେଣୁ ନୂଆକରି ନାମ ଲେଖାଇବାକୁ ଥିବା ପିଲାଙ୍କ ଅଭିଭାବକ ସ୍ଥାନୀୟ ଅଞ୍ଚଳରେ ଥିବା ତେନ୍ତୁଲପୁର ୟୁଜିଏମ୍‌ଇ ବିଦ୍ୟାଳୟ ଯିବାକୁ ଅମଙ୍ଗ ହେଉଛନ୍ତି। କାଳିଆବୁଦା ପ୍ରାଥମିକ ବିଦ୍ୟାଳୟଠାରୁ ଏହି ବିଦ୍ୟାଳୟର ଦୂରତା ୩ କି.ମି.ରୁ ଅଧିକ। ଶିଶୁମାନଙ୍କୁ ୩ କି.ମି. ବାଟ ଯିବା ସହ କେନ୍ଦ୍ରାପଡ଼ା କେନାଲ ବନ୍ଧ ଅତିକ୍ରମ କରିବାକୁ ପଡ଼ିବ। ଏହି କେନାଲ ବନ୍ଧ ଦେଇ ବହୁସଂଖ୍ୟାରେ ଯାନବାହନ ଯାତାୟାତ କରୁଥିବାରୁ ପିଲାଙ୍କ ଜୀବନ ପ୍ରତି ବିପଦ ଆଶଙ୍କା ରହିଛି। ତେଣୁ ଅଭିଭାବକମାନେ ମୁଖ୍ୟମନ୍ତ୍ରୀଙ୍କଠାରୁ ଆରମ୍ଭକରି ଜିଲାପାଳ, ଜିଲା ଶିକ୍ଷାଧିକାରୀ, ନିଶ୍ଚିନ୍ତକୋଇଲି ବିଇଓଙ୍କ ପର୍ଯ୍ୟନ୍ତ ଲିଖିତ ଆକାରରେ ଜଣାଇଥିଲେ। ହେଲେ ଏଥିପ୍ରତି କେହିହେଲେ କର୍ଣ୍ଣପାତ କରି ନ ଥିଲେ। ବୁଧବାର ବିଦ୍ୟାଳୟରେ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ କାର୍ଯ୍ୟକ୍ରମ ଚାଲୁଥିବା ଦେଖି ସ୍ଥାନୀୟ ଅଭିଭାବକମାନେ ସେମାନଙ୍କ ପିଲାଙ୍କୁ ଧରି ଦିନତମାମ ବିଦ୍ୟାଳୟ ସମ୍ମୁଖରେ ଧାରଣା ଦେବା ସହ ନାରାବାଜି କରିଥିଲେ। ଏପିରକି ଉତ୍ୟକ୍ତ ଅଭିଭାବକମାନେ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ମହମ୍ମଦ ହଫିଜୁଲା ଓ ସିଆର୍‌ସିସି ମହମ୍ମଦ ୱାଜିଦଙ୍କୁ ବିଦ୍ୟାଳୟ ଗୃହରେ ତାଲା ପକାଇ ଅଟକ ରଖିଥିଲେ। ଫଳରେ ଦିନତମାମ ଭୋକଉପାସରେ ପ୍ରଧାନ ଶିକ୍ଷକ ଓ ସିଆର୍‌ସିସି ରହିଥିଲେ। ଖବରପାଇ ସନ୍ଧ୍ୟାରେ ପୋଲିସ ବିଦ୍ୟାଳୟରେ ପହଞ୍ଚି ଘଟଣାର ସମାଧାନ କରିବା ନିମନ୍ତେ ଉଦ୍ୟମ କରି ବିଫଳ ହୋଇଛି। ଅଭିଭାବକମାନେ ଏହି ବିଦ୍ୟାଳୟକୁ ପୁଣି ଖୋଲିବାକୁ ଅଡ଼ି ବସିଛନ୍ତି। ଏ ସମ୍ପର୍କରେ ସିଆର୍‌ସିସି ୱାଜିଦଙ୍କୁ ପଚାରିବାରେ ସରକାରୀ ନିର୍ଦ୍ଦେଶନାମାକୁ ଆମେ କେବଳ ପାଳନ କରୁଛୁ। ଆମେ କୌଣସି ନିଷ୍ପତ୍ତି ନେଇପାରିବୁ ନାହିଁ ବୋଲି କହିଛନ୍ତି। ବିଦ୍ୟାଳୟ ସମ୍ମୁଖରେ ଚାଲିଥିବା ଧାରଣା ସମ୍ପର୍କରେ ବିଧାୟକ ସାରଦା ପ୍ରଧାନ ଅବଗତ ହେବାପରେ ୪ ଦିନ ମଧ୍ୟରେ ଗ୍ରାମବାସୀଙ୍କ ସହ ଆଲୋଚନା କରି ସମାଧାନ ବାଟ ବାହାର କରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ପ୍ରତିଶ୍ରୁତି ମିଳିବା ପରେ ରାତି ସାଢ଼େ ୧୦ଟାରେ ବିଇଓ ସଂଯୁକ୍ତା ମହାପାତ୍ରଙ୍କ ଉପସ୍ଥିତିରେ ଅଟକ ପ୍ରଧାନ ଶିକ୍ଷକ, ସିଆର୍‌ସିସିଙ୍କୁ ଗ୍ରାମବାସୀ ଛାଡ଼ିଥିଲେ। ପରେ ଗ୍ରାମବାସୀଙ୍କ ଧାରଣା ହଟିଥିଲା।



କାଳିଆବୁଦା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପିଲାଙ୍କ ଖଡ଼ିଛୁଆଁ କରିଥିବା ଆସିଥିବା ଅଭିଭାବକମାନେ ଧାରଣା ଦେଇଛନ୍ତି।

### ବନ୍ଦ ଘରୁ ଦୁର୍ବୃତ୍ତ ଲୁଟିନେଲେ ସୁନା, ଟଙ୍କା

ନିଶ୍ଚିନ୍ତକୋଇଲି, ୨।୪ (ଅଶୋକ କୁମାର ମହାପାତ୍ର) ସାଲେପୁର ଥାନା ଅଧୀନ ଜୟରାମପୁର ଗାଁରେ ମଙ୍ଗଳବାର ରାତିରେ ଦୁର୍ବୃତ୍ତମାନେ ଘରେ କେହି ନ ଥିବାର ସୁଯୋଗରେ ସୁନା ଅଳଙ୍କାର, ଟଙ୍କା ଲୁଟି ନେଇଥିବା ଅଭିଯୋଗ ହୋଇଛି। ବୁଧବାର ପୋଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଜାରି ରଖିଛି।

ପୋଲିସ ସୂଚନା ମୁତାବକ, ଜୟରାମପୁର ଗ୍ରାମର ହରେକୃଷ୍ଣ ସାହୁ କେନ୍ଦ୍ରାପଡ଼ା ଜିଲା ଡେରାବିଶ ବ୍ଲକ ହରିଅଙ୍କ ଗ୍ରାମରେ ତାଙ୍କ ଭଣଜାର ହେଉଥିବା ୧୬ ପୂଜା ନିମନ୍ତେ ଯାଇଥିଲେ। ବୁଧବାର ସକାଳ ୬ଟାରେ ତାଙ୍କ ଦାଦାପୁଅ ଭାଇ ଅଶୋକ ସାହୁ ଫୋନ ଯୋଗେ ତାଙ୍କ ଘରୁ ଚୋରି ହୋଇଥିବା ଜଣାଇଥିଲେ। ଖବର ପାଇ ହରେକୃଷ୍ଣ ଘରକୁ ଆସିଥିଲେ। ଘରେ ପହଞ୍ଚିବା ପରେ ମୁଖ୍ୟ ଦ୍ୱାର ଗ୍ରିଲକୁ ଦୁର୍ବୃତ୍ତମାନେ କାଟି ଘରେ ପ୍ରବେଶ କରିଥିବା ଦେଖିବାକୁ ପାଇଥିଲେ। ଦୁର୍ବୃତ୍ତମାନେ ତାଙ୍କ ଘରୁ ୩୦ଗ୍ରାମ ସୁନା, ୨ଟି ସୁନାଚେନ, କାନଫୁଲ ୨ହଳ, ଶଙ୍ଖା ୧ଟି, ସୁନାମୁଦି ୬ଟା, ଲକେଟ ୬ଟା, ରୁପାର ଅଣ୍ଟାବିଛା ୧ଟା, କଡା ୫ଟା, ନଗଦ ୨ଲକ୍ଷ ଟଙ୍କା ଲୁଟି ନେଇଥିବା ସାହୁ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗକୁ ଭିତ୍ତିକରି ଆଇଆଇସି ଅନିତା ସାହୁ, ଏସ୍‌ଆଇ ଶ୍ରଦ୍ଧାଞ୍ଜଳୀ ସେନାପତି ପ୍ରମୁଖ ସାଇଣ୍ଟିଫିକ ଦଳ ଓ ସନ୍ଧାନୀ କୁକୁର ସାହାଯ୍ୟରେ ଖବର ଲେଖା ହେବା ସୁଧା ତଦନ୍ତ ଜାରି ରଖିଛନ୍ତି। ତଦନ୍ତ ପରେ ମାମଲା ରୁଜୁ ହେବ ବୋଲି ଆଇଆଇସି ସାହୁ ସୂଚନା ଦେଇଛନ୍ତି।

## ମଧୁସୂଦନଙ୍କ ମାଟିରେ ସାଲେପୁର ମହୋତ୍ସବ ନିଆରା

ସାଲେପୁର,୨।୪(ଅରବିନ୍ଦ ଭୂୟାଁ) ସାଲେପୁର ମହୋତ୍ସବ ଓ ଓଡ଼ିଶା ଦିବସ ସମାରୋହ ଶିଶୁଆ ବ୍ୟାରେଜ ପଡ଼ିଆରେ ମଙ୍ଗଳବାର ସନ୍ଧ୍ୟାରେ ଉଦ୍‌ଘାଟିତ ହୋଇଯାଇଛି। ଟାଙ୍ଗୀ ଓ ସାଲେପୁର ବିଧାୟକ ପ୍ରଶାନ୍ତ କୁମାର ବେହେରାଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥି ଭାବେ ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ ଯୋଗଦେଇ ମଧୁସୂଦନ ଦାସଙ୍କ ମାଟିରେ ସାଲେପୁର ମହୋତ୍ସବ ଏକ ନିଆରା ବୋଲି କହିଥିଲେ। ସମ୍ମାନିତ ଅତିଥି ଭାବେ ବିରୋଧୀ ଦଳ ଉପମୁଖ୍ୟ ସଚେତକ ପ୍ରତାପ କେଶରୀ ଦେବ, ପୂର୍ବତନ ମନ୍ତ୍ରୀ ପ୍ରତାପ ଜେନା, ଜିଲା ପରିଷଦ ସଭାପତି କିଶୋର ଚନ୍ଦ୍ର ମିଶ୍ର, ସାଲେପୁର ବ୍ଲକ ଅଧ୍ୟକ୍ଷ ରାମଚନ୍ଦ୍ର ଭୋଇ ଯୋଗଦେଇ ମଧୁବାବୁଙ୍କ ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ମଧୁସ୍ମୃତି ପରିଷଦର ସମସ୍ତ ସଦସ୍ୟ ଏକ ବାଇକ୍ ଶୋଭାଯାତ୍ରାରେ ମଧୁବାବୁଙ୍କ ଜନ୍ମପୀଠ ସତ୍ୟଭାମାପୁର ଯାଇଥିଲେ। ପରିଷଦର ସଭାପତି ତଥା ବିଧାୟକ ବେହେରାଙ୍କ ନେତୃତ୍ୱରେ ମଧୁବାବୁଙ୍କ ଅନ୍ତୁଡ଼ିଶାଳରୁ ମଧୁ ଜ୍ୟୋତି ଅଣାଯାଇ ସଭାସ୍ଥଳରେ ସ୍ଥାପନ କରାଯାଇଥିଲା। ଏହି କାର୍ଯ୍ୟକ୍ରମକୁ ଆମ୍ବାର ସଭାପତି ଦିଲୀପ କୁମାର ଦାଶ, ପୂର୍ବତନ ଉପାଧ୍ୟକ୍ଷ ରମେଶ ଜେନା, ବାଲିସାହି ସରପଞ୍ଚ ପବିତ୍ର ସାମଲ, ସମିତି ସଭ୍ୟା ଗୌତମୀ ମଲ୍ଲିକ, ସରପଞ୍ଚ ଜ୍ଞାନ ପଟ୍ଟନାୟକ, କଟକ ଜିଲା ବିଜେଡି ସାଧାରଣ ସମ୍ପାଦକ ବିରଞ୍ଚି ନାରାୟଣ କର, ଯୁବ ବିଜେଡି ସଭାପତି ସଞ୍ଜିତ ଦାଶ, ଛାତ୍ର ବିଜେଡି ସଭାପତି ଶୁଭମ ଦାଶ ପ୍ରମୁଖ ଯୋଗଦେଇଥିଲେ। ଏହି ଅବସରରେ କଳାକାରମାନଙ୍କ ଦ୍ୱାରା ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।



ବିଧାୟକ ପ୍ରଶାନ୍ତ କୁମାର ବେହେରା ମଧୁ ଜ୍ୟୋତିକୁ ଧରି ସଭାସ୍ଥଳକୁ ଆସୁଛନ୍ତି।

### ପ୍ରତାପନଗରୀ, କଟକ ଟିମ୍ ଚାମ୍ପିୟନ

### ରାଜ୍ୟସ୍ତରୀୟ ବାପୁଜୀ କପ୍ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟ

ବଡ଼ମ୍ବା, ୨।୪(ମାୟାଧର ମଲ୍ଲିକ) ବଡ଼ମ୍ବା ବ୍ଲକ ଅନ୍ତର୍ଗତ ଶଙ୍ଖାମେରୀ ଖେଳପଡ଼ିଆରେ ଚାଲିଥିବା ରାଜ୍ୟସ୍ତରୀୟ ବାପୁଜୀ କପ୍ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟର ବୁଧବାର ଫାଇନାଲ ଖେଳ ଅନୁଷ୍ଠିତ ହୋଇଯାଇଛି। ବାପୁଜୀ ଫୁଟ୍‌ବଲ ଆସୋସିଏଶନ, ଶଙ୍ଖାମେରୀ ଆନୁକୂଲ୍ୟରେ ଆୟୋଜିତ ମ୍ୟାଚ୍ ପ୍ରତାପ କ୍ଲବ, ପ୍ରତାପନଗରୀ, କଟକ ଓ ଯୁବଜ୍ୟୋତି କ୍ଲବ, ପଙ୍କାଳ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ପଙ୍କାଳ ଦଳକୁ ୨-୧ ଗୋଲରେ ପରାସ୍ତ କରି ପ୍ରତାପନଗରୀ(କଟକ) ଚାମ୍ପିୟନ ହୋଇଥିଲା। ମ୍ୟାଚରେ ମୁଖ୍ୟ ଅତିଥି ଭାବେ ବଡ଼ମ୍ବା ବିଧାୟକ ବିଜୟ କୁମାର ଦଳବେହେରା ଓ ସମ୍ମାନିତ ଅତିଥି ଭାବେ ବଡ଼ମ୍ବା ପଞ୍ଚାୟତ ସମିତି ଅଧ୍ୟକ୍ଷ ରଘୁପତି ମହାନ୍ତି ଓ ସାମାଜିକ କର୍ମୀ ଗୋବିନ୍ଦ ସାହୁ ପ୍ରମୁଖ ଯୋଗଦେଇଥିଲେ। ସେଠାରେ ଚାମ୍ପିୟନ ପ୍ରତାପନଗରୀ, କଟକକୁ ଟ୍ରଫି ସହ ୧୫ ହଜାର ଓ ରନର୍ସଅପ ପଙ୍କାଳ ଦଳକୁ ଟ୍ରଫି ସହ ୧୦ ହଜାର ଟଙ୍କା ମୁଖ୍ୟ ଅତିଥି ଦଳବେହେରା ପ୍ରଦାନ କରିଥିଲେ। ସରପଞ୍ଚଙ୍କ ପ୍ରତିନିଧି ମାନସ ମୁଦୁଲି କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସାମାଜିକ କର୍ମୀ ପ୍ରାଣବନ୍ଧୁ ନାୟକ, ଦିଲୀପ ପଙ୍ଗାରୀ, ରବୀନ୍ଦ୍ର ସ୍ୱାଇଁ , କୃତ୍ତିବାସ ମିଶ୍ର, ପୂର୍ଣ୍ଣଚନ୍ଦ୍ର ଜେନା ଓ ଆୟୋଜକ ଦଳର ସଭାପତି ବାଦଲ ମହାନ୍ତି, ଦୀନବନ୍ଧୁ ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ। ମୁଖ୍ୟ ରେଫରି ମିଙ୍କୁନ ମହାନ୍ତି ମ୍ୟାଚ ପରିଚାଳନା କରିଥିବାବେଳେ ଅବ୍ଦୁଲ ମାଟିନ ଓ ରାଜେଶ ଜେନା ଲାଇନ୍‌ରେ ସହାୟତା କରିଥିଲେ।

## ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ସହ ୨ ଏମ୍‌ଓୟୁ ସ୍ୱାକ୍ଷରିତ

ବାରଙ୍ଗ/ତ୍ରିଶୂଳିଆ,୨।୪(ଲିଙ୍ଗରାଜ ରାଉତ/ତୁଷାରକାନ୍ତ ବେହେରା) ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ପକ୍ଷରୁ ବୁଧବାର କାନାଡ଼ାର ସଡବେରୀସ୍ଥିତ ଲରେଣ୍ଟିଆନ ୟୁନିଭର୍ସିଟି ଏବଂ ତେଲଙ୍ଗାନାର କର୍ପୋରେଟ ସଂସ୍ଥା 'ଆଭାନ ଇଣ୍ଟେଲେକ୍ଟ ସିଷ୍ଟମ ଲିମିଟେଡ' ସହ ୨ଟି ଏମ୍‌ଓୟୁ ସ୍ୱାକ୍ଷରିତ ହୋଇଛି। ଲରେଣ୍ଟିଆନ ୟୁନିଭର୍ସିଟି ସହ ସ୍ୱାକ୍ଷରିତ ହୋଇଥିବା ଏମ୍‌ଓୟୁ ଦ୍ୱାରା ୨ ବିଶ୍ୱବିଦ୍ୟାଳୟର ମ୍ୟାନେଜମେଣ୍ଟ ଛାତ୍ରୀଛାତ୍ର ଲାଭାନ୍ୱିତ ହେବେ ବୋଲି ଉଭୟ ବିଶ୍ୱବିଦ୍ୟାଳୟ ପକ୍ଷରୁ ସୂଚନା ଦିଆଯାଇଛି। ୟୁନିଭର୍ସିଟି ପକ୍ଷରୁ ଫାକଲ୍ଟି ଅଫ ବିଜନେସ ବିଭାଗର ଡିନ୍ ଡ. ପରୱିନ୍ଦର ଆରୋରାଙ୍କ ନେତୃତ୍ୱରେ ଏକ ୩ ଜଣିଆ ପ୍ରତିନିଧି ମଣ୍ଡଳୀ ଆସିଥିଲେ। ଏହି ଗ୍ରୁପରେ ୟୁନିଭର୍ସିଟିର ଷ୍ଟ୍ରାଟେଜି, ରିକ୍ରୁଟମେଣ୍ଟ ଆଣ୍ଡ ପାର୍ଟନରଶିପ ମ୍ୟାନେଜର ବୀରେନ ସିଂ ଏବଂ ଅନ୍ୟତମ ପ୍ରତିନିଧି ଆରତି ରାୱତ ପ୍ରମୁଖ ସାମିଲ ଥିଲେ। ଏମ୍‌ଓୟୁ ସମୟରେ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ପକ୍ଷରୁ କୁଳପତି ପ୍ରଫେସର ଡ. ତେଜ ପ୍ରତାପ, କାର୍ମିକ ନିର୍ଦ୍ଦେଶକ ସ୍ୱାମୀ ସତ୍ୟଚୈତନ୍ୟ, ଫାକଲ୍ଟି ଅଫ ମ୍ୟାନେଜମେଣ୍ଟ ଷ୍ଟଡିର ଡିନ୍ ପ୍ରଫେସର ଡ. ବିପ୍ଳବ କୁମାର ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ। ୨ ବିଶ୍ୱବିଦ୍ୟାଳୟ ପକ୍ଷରୁ ସମ୍ପୃକ୍ତ ବିଭାଗର ଡିନ୍‌ମାନେ ଏହି ଏମ୍‌ଓୟୁ ସ୍ୱାକ୍ଷର କରିଥିଲେ। ପରେ ୟୁନିଭର୍ସିଟିର ପ୍ରତିନିଧିଙ୍କ ସହ ଛାତ୍ରୀଛାତ୍ରଙ୍କ ଏକ ମତ ବିନିମୟ ଅଧିବେଶନ ଅନୁଷ୍ଠିତ ହୋଇଥିଲା। ଏଥିରେ ଯେଉଁମାନେ ଉଚ୍ଚଶିକ୍ଷା ପାଇଁ ସେଠାକୁ ଯିବାକୁ ଇଚ୍ଛୁକ, ସେମାନଙ୍କୁ ସୁଯୋଗ ପ୍ରଦାନ କରାଯିବ ବୋଲି ଉକ୍ତ ବିଶ୍ୱବିଦ୍ୟାଳୟ ପକ୍ଷରୁ କୁହାଯାଇଥିଲା। ପରେ ଆଭାନ ଇଣ୍ଟେଲେକ୍ଟ ସିଷ୍ଟମ ଲିମିଟେଡ ସହ ଦ୍ୱିତୀୟ ଏମ୍‌ଓୟୁ ସ୍ୱାକ୍ଷରିତ ହୋଇଥିଲା। ଲଜିଷ୍ଟିକ ମ୍ୟାନେଜମେଣ୍ଟରେ ବିବିଏ ପାଠ୍ୟକ୍ରମର ଶୁଭାରମ୍ଭ ଏବଂ ପରିଚାଳନାରେ ସହଯୋଗ କରିବା ହେଉଛି ଏହାର ଉଦ୍ଦେଶ୍ୟ। ଫଳରେ ଏକାଡେମିକ ଶିକ୍ଷା ଓ ବ୍ୟବସାୟିକ କୌଶଳ ସାହାଯ୍ୟରେ ଯୁବପିଢ଼ିକୁ ଉପାର୍ଜନକ୍ଷମ କରାଯାଇପାରିବ। ଏହି ଏମ୍‌ଓୟୁରେ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ପକ୍ଷରୁ କୁଳପତି ପ୍ରଫେସର ଡ. ପ୍ରତାପ, କାର୍ମିକ ନିର୍ଦ୍ଦେଶକ ସତ୍ୟଚୈତନ୍ୟ, ଫାକଲ୍ଟି ଅଫ ମ୍ୟାନେଜମେଣ୍ଟ ଷ୍ଟଡିର ଡିନ୍ ପ୍ରଫେସର ଡ. ବିଶ୍ୱାଳ ଏବଂ ଆଭାନ ଇଣ୍ଟେଲେକ୍ଟ ସିଷ୍ଟମ ଲିମିଟେଡ ପକ୍ଷରୁ ଏହାର ପ୍ରେସିଡେଣ୍ଟ ଖୁଞ୍ଜାମାୟୁନ ଡେଭିଡ ସିଂ, ଅପରେସନ ହେଡ ଏର୍. ସ୍ୱରୂପ କୁମାର ପ୍ରମୁଖ ଉପସ୍ଥିତ ଥିଲେ।



ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ସହ ଏମ୍‌ୟୁ ସ୍ୱାକ୍ଷର ହେଉଛି।

# ମନ ମୋହିଲା ସାଂସ୍କୃତିକ କାର୍ଯ୍ୟକ୍ରମ, ବୈଦ୍ୟୁତିକ ଆତସବାଜି



ସାଲେପୁର ଆଞ୍ଚଳିକ ଖବରଦାତା ସଂଘର ୧୦ମ ବାର୍ଷିକ ଉତ୍ସବରେ ମଧୁବାର୍ତ୍ତାକୁ ଅତିଥିମାନେ ଉନ୍ମୋଚନ କରୁଛନ୍ତି।

**ସାଲେପୁର ଆଞ୍ଚଳିକ ଖବରଦାତା ସଂଘର ବାର୍ଷିକ ଉତ୍ସବ, ଓଡ଼ିଶା ଦିବସ ସମାରୋହ ଉଦ୍‌ଯାପିତ**

ସାଲେପୁର,୨।୪(ଅରବିନ୍ଦ ଭୂୟାଁ) ସାଲେପୁର ହାଇସ୍କୁଲ ଖେଳପଡ଼ିଆରେ ୩ ଦିନ ଧରି ସାଲେପୁର ଆଞ୍ଚଳିକ ଖବରଦାତା ସଂଘର ୧୦ମ ବାର୍ଷିକ ଉତ୍ସବ ଓ ଓଡ଼ିଶା ଦିବସ ସମାରୋହ ମଙ୍ଗଳବାର ଉଦ୍‌ଯାପିତ ହୋଇଯାଇଛି। ଓଡ଼ିଶା ଦିବସ ଅବସରରେ ଆଞ୍ଚଳିକ ଖବରଦାତା ସଂଘ ପକ୍ଷରୁ ପ୍ରଭାତଫେରି କାର୍ଯ୍ୟକ୍ରମ ସ୍ଥାନୀୟ ମଧୁମଣ୍ଡପଠାରେ ଶୁଭାରମ୍ଭ ହୋଇଥିଲା। ସାଲେପୁର ଆଦର୍ଶ ଥାନା ଅଧିକାରିଣୀ ଅନିତା ସାହୁ ପତାକା ଦେଖାଇ ଏହି ରାଲିକୁ ଉଦ୍‌ଘାଟନ କରିଥିବାବେଳେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମଧୁବାବୁଙ୍କ ଜନ୍ମସ୍ଥାନ ସତ୍ୟଭାମାପୁରରେ ମଧୁଜ୍ୟୋତିକୁ ଆଞ୍ଚଳିକ ଖବରଦାତା ସଂଘର କର୍ମକର୍ତ୍ତାଙ୍କୁ ହସ୍ତାନ୍ତର କଲାପରେ ଏହା ସାଲେପୁର ସହର ପରିକ୍ରମା କରି ମଧୁମଣ୍ଡପଠାରେ ସ୍ଥାପନ କରାଯାଇଥିଲା। ସେହିପରି ସନ୍ଧ୍ୟା ଅଧିବେଶନରେ ମୁଖ୍ୟ ଅତିଥି ଭାବେ ସମବାୟ, ହସ୍ତତନ୍ତ ଓ ବୟନଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ ଯୋଗଦେଇ ଏହି ମାଟିର ସୁଯୋଗ୍ୟ ସନ୍ତାନ ମଧୁବାବୁଙ୍କ ପାଇଁ ଓଡ଼ିଶା ନିଜର ପରିଚୟ ପାଇପାରିଛି ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଶିଷ୍ଟ ଅତିଥି ରୂପେ ଦିଗପହଣ୍ଡି ବିଧାୟକ ତଥା ଚଳଚ୍ଚିତ୍ର ଅଭିନେତା ସିଦ୍ଧାନ୍ତ ମହାପାତ୍ର, ମୁଖ୍ୟବକ୍ତା ଭାବେ ମାହାଙ୍ଗା ବିଧାୟକ ସାରଦା ପ୍ରଧାନ ଯୋଗଦେଇ ମଧୁବାବୁଙ୍କ ତ୍ୟାଗ, ନିଷ୍ଠା ଓ ଜାତି ପ୍ରତି ଥିବା ଅବଦାନ ସମ୍ପର୍କରେ ବିସ୍ତୃତ ଭାବେ ଆଲୋଚନା କରିଥିଲେ। ସମ୍ମାନିତ ଅତିଥି ଭାଜପା ନେତା ତଥା ଚଳଚ୍ଚିତ୍ର ଅଭିନେତା ଅରିନ୍ଦମ ରାୟ ଯୋଗଦେଇଥିଲେ। ଏହି ଅବସରରେ ଅନୁଷ୍ଠାନ ପକ୍ଷରୁ 'ମଧୁବାର୍ତ୍ତା'କୁ ଅତିଥିମାନେ ଉନ୍ମୋଚନ କରିଥିଲେ। ଏଥିରେ ଅନୁଷ୍ଠାନର ସମ୍ପାଦକ ହୃଷୀକେଶ ମଲ୍ଲିକ ସମ୍ପାଦକୀୟ ବିବରଣୀ ପାଠ କରିଥିବାବେଳେ କାର୍ଯ୍ୟକାରୀ ସଭାପତି ଶାରଦା ପଣ୍ଡା ଅତିଥି ପରିଚୟ ପ୍ରଦାନ କରିଥିଲେ। ଏଥିରେ ବିଶିଷ୍ଟ ସଙ୍ଗୀତ ଶିଳ୍ପୀ ଇରା ମହାନ୍ତି, ଖୋର୍ଦ୍ଧାର ପାଇକଆଖଡ଼ା ଦଳର ଉତ୍କୃଷ୍ଟ କଳାକୌଶଳ ଉପସ୍ଥିତ ଦର୍ଶକଙ୍କ ମନ ମୋହିଥିଲା। ସେହିପରି ପ୍ରଥମକରି ସମାବେଶରେ ବୈଦ୍ୟୁତିକ ଆତସବାଜି ପ୍ରଦର୍ଶନ ଦେଖିବାକୁ ବହୁ ଜନସାଧାରଣ ଉପସ୍ଥିତ ଥିଲେ। ଆଞ୍ଚଳିକ ଖବରଦାତା ସଂଘର ଉପସଭାପତି ଦୀପକ କୁମାର ଦାସ, ମହାସଚିବ ମନୋଜ ଆଚାର୍ଯ୍ୟ, ସହସମ୍ପାଦକ ଅରବିନ୍ଦ ଭୂୟାଁ, କୋଷାଧ୍ୟକ୍ଷ ସୁଧୀର ଶତପଥୀ, ହେମନ୍ତ ଭୂୟାଁ ପ୍ରମୁଖ ଉପସ୍ଥିତ ଥିଲେ।

## ପ୍ରବେଶ ଉତ୍ସବ, ଖଡ଼ିଛୁଆଁ ସଚେତନତା ରଥର ଶୁଭାରମ୍ଭ

ବାଙ୍କୀ,୨।୪(ଜ୍ଞାନେନ୍ଦ୍ର ମୋହନ ମିଶ୍ର) ଡମପଡ଼ା ମଣ୍ଡଳସ୍ତରୀୟ ପ୍ରବେଶ ଉତ୍ସବ, ଖଡ଼ିଛୁଆଁ ସଚେତନତା ରଥକୁ ପତାକା ଦେଖାଇ ବିଧାୟକ ଦେବୀରଞ୍ଜନ ତ୍ରିପାଠୀ ବୁଧବାର ଶୁଭାରମ୍ଭ କରିଛନ୍ତି। ଏଥିସହ ନୂଆ ଛାତ୍ରୀଛାତ୍ରଙ୍କୁ ବିଧାୟକ ପାଠ୍ୟପୁସ୍ତକ କିଟ୍ ବ୍ୟାଗ୍ ପ୍ରଦାନ କରିଛନ୍ତି। ବିଶେଷକରି ବିଦ୍ୟାଳୟଗୁଡିକରେ ଅଧିକ ସଂଖ୍ୟକ ଛାତ୍ରୀଛାତ୍ର ନାମ ଲେଖାଇବା ସହ ଖଡ଼ିଛୁଆଁରେ ସାମିଲ ହେବା ପାଇଁ ବିଇଓ ସନ୍ତୋଷ କୁମାର ସେଠୀ କହିଥିଲେ। ଜିଲା ପରିଷଦ ସଦସ୍ୟା ମିନତି ମହାପାତ୍ର, କାଉନ୍‌ସିଲର ସନାତନ ବେହେରା, ଉପନଗରପାଳ ସନ୍ତୋଷ କୁମାର ରଣା, ବିଆର୍‌ସିସି ପ୍ରଫୁଲ୍ଲ କୁମାର ବେହେରା, ଏବିଇଓ କାର୍ତ୍ତିକ ବେହେରା ପ୍ରମୁଖ ଯୋଗଦେଇ ଖଡ଼ିଛୁଆଁ କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ।

ଫଟୋରେ ଖବର



କଟକ ଶତାବ୍ଦୀ ଭବନରେ ଅନୁଷ୍ଠିତ ଶୋଭନୀୟ ସାଂସ୍କୃତିକ ମହୋତ୍ସବକୁ ବିଧାୟିକା ସୋଫିଆ ଫିର୍ଦ୍ଦୋସ ଉଦ୍‌ଘାଟନ କରୁଛନ୍ତି।



ଡମପଡ଼ା ବ୍ଲକ ବାଆଁରା ଗ୍ରାମର ଶ୍ରୀସୁବୁଦ୍ଧେଶ୍ୱର ଡ୍ୟାନ୍ସ ଏକାଡେମୀର ଓଡ଼ିଶୀ ଛାତ୍ରୀମାନେ ଭୁବନେଶ୍ୱର ଗୀତଗୋବିନ୍ଦ ସଦନରେ ମଙ୍ଗଳବାର ସମ୍ବର୍ଦ୍ଧିତ ହେଉଛନ୍ତି।

## ସଂକ୍ଷେପରେ

### ବ୍ରାଉନ୍‌ସୁଗାର ବିକ୍ରି କରି ଯୁବକ ଗିରଫ

ଜଟଣୀ,୨।୪(ରବୀନ୍ଦ୍ରନାଥ ମହାକୁଡ଼)

ଜଟଣୀ ଥାନା ଅଞ୍ଚଳରେ ବ୍ରାଉନସୁଗାର ବିକ୍ରି ଅଭିଯୋଗରେ ଜଣେ ବେପାରୀଙ୍କୁ ଜଟଣୀ ପୋଲିସ ଗିରଫ କରି କୋର୍ଟ ଚାଲାଣ କରିଛି। ସେ ହେଲେ ଜଟଣୀ ଥାନା ଅଧୀନ ନୂଆଗାଁ ଅଞ୍ଚଳର ଅଜୟ ନାୟକ ଓରଫ ନନ୍ଦୁ (୨୬)। ପୋଲିସ ତାଙ୍କଠାରୁ ୧୬ ଗ୍ରାମର ବ୍ରାଉନସୁଗାର ଜବତ କରିଛି। ଏନେଇ ପୋଲିସ ୧୪୭/୨୫ରେ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି। ଅଜୟ ଜଟଣୀ ରାମଚନ୍ଦ୍ରପୁର ବଜାରସ୍ଥିତ ସାଇ ମନ୍ଦିର ନିକଟରେ ବ୍ରାଉନସୁଗାର ବିକ୍ରି ପାଇଁ ଗ୍ରାହକ ଅପେକ୍ଷାରେ ଥିଲେ। ଏହି ସମୟରେ ପୋଲିସର ଏକ ସ୍ପେଶାଲ ଟିମ୍ ଘଟଣାସ୍ଥଳରେ ଚଢ଼ାଉ କରିଥିଲା। ତେବେ ଅଜୟ ଖୋର୍ଦ୍ଧାରୁ ବ୍ରାଉନସୁଗାର ଆଣି ଜଟଣୀ ଅଞ୍ଚଳରେ ଦୀର୍ଘ ଦିନ ଧରି ବିକ୍ରି କରି ଆସୁଥିଲେ। ଅନ୍ୟପଟେ ତାଙ୍କ ନାଁରେ ଜଟଣୀ ଥାନାରେ ୨୬ଟି ଅପରାଧିକ ମାମଲା ରହିଥିବା ଜଣାପଡ଼ିଛି।

### ପୋଖରୀ ଭିତରକୁ ଓଲଟିଲା ସାର ବୋଝେଇ ଟ୍ରକ୍

ବେଗୁନିଆ,୨।୪(ସନ୍ଧ୍ୟାରାଣୀ ମିଶ୍ର)

ବେଗୁନିଆ ବ୍ଲକ ଅଧୀନ ଗଡ଼ମାଣତୀର ଗ୍ରାମ ଶେଷ ମୁଣ୍ଡରେ ଥିବା ପୋଖରୀକୁ ବୁଧବାର ରାତି ୮ଟା ସମୟରେ ଏକ ସାର ବୋଝେଇ ଟ୍ରକ୍ ଓଲଟି ପଡ଼ିଛି। ଘଟଣାରେ କାହାର କିଛି ହୋଇ ନ ଥିବାବେଳେ ସାର ବସ୍ତାଗୁଡ଼ିକ ପୋଖରୀରେ ଭାସୁଛି। ସ୍ଥାନୀୟ ଲୋକେ ଗାଡ଼ି ଭାଙ୍ଗି ଫସିଥିବା ଚାଳକ ବନମାଳୀ ନାୟକଙ୍କୁ ଉଦ୍ଧାର କରିଥିଲେ। ଗଡ଼ମାଣତୀର ବିଟ୍ ହାଉସ ଅଧିକାରୀ ସରୋଜ କୁମାର ସେନାପତି ଘଟଣାସ୍ଥଳରେ ପହଞ୍ଚି ଘଟଣାର ତଦନ୍ତ କରୁଛନ୍ତି। କଟକରୁ ଏକ ଟ୍ରକ ଯୋଗେ ୨୦୦ ବସ୍ତା ଗ୍ରୋମର ସାର ଧରି ଚାଳକ ଛତ୍ରପଡ଼ା ଅଭିମୁଖେ ଯାଉଥିଲେ। ଚାଳକ ଜଣଙ୍କ ମଝି ରାସ୍ତାରେ ଗାଡ଼ିକୁ ରଖି ହେଲ୍ପର ବସୁଥିବା ପଟକୁ ଆସି ଛତ୍ରପଡ଼ାକୁ ଯିବା ରାସ୍ତା ପଚାରୁଥିବାବେଳେ ଗାଡ଼ିଟି ଗଡ଼ିଯାଇ ପୋଖରୀ ଭିତରେ ପଶି ଓଲଟି ପଡ଼ିଥିବା ଡ୍ରାଇଭର କହିଛନ୍ତି। ଫଳରେ ପୋଖରୀ ପାହାଚଗୁଡ଼ିକ ନଷ୍ଟ ହେବା ସହ ଏତେ ପରିମାଣର ସାର ଯୋଗୁ ପୋଖରୀରେ ଥିବା ମାଛ ବଞ୍ଚିବେ ନାହିଁ ବୋଲି ଗ୍ରାମବାସୀ କହୁଛନ୍ତି।

### ଖବରଦାତାଙ୍କ ପିତୃ ବିୟୋଗ

ଜଟଣୀ,୨।୪(ରବୀନ୍ଦ୍ରନାଥ ମହାକୁଡ଼)

ଜଟଣୀ ବ୍ଲକର ଖବରଦାତା ବାସୁଦେବ ଶତପଥୀଙ୍କ ପିତା ସାହିତ୍ୟିକ ବୈରାଗୀ ଶତପଥୀ(୯୮)ଙ୍କ ବୁଧବାର ମୃତ୍ୟୁ ହୋଇଛି। ସ୍ୱର୍ଗତ ଶତପଥୀ ବାର୍ଦ୍ଧକ୍ୟ ଜନିତ ରୋଗରେ ପୀଡ଼ିତ ଥିଲେ। ସେ ଜଣେ ସୁସାହିତ୍ୟିକ ଏବଂ ପଣ୍ଡିତ ଭାବେ ସମଗ୍ର ଅଞ୍ଚଳରେ ନିଜର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଥିବାବେଳେ ଏକାଧିକ କବିତା ଓ ଉପନ୍ୟାସର ସ୍ରଷ୍ଟା। ସ୍ୱର୍ଗତ ବୈରାଗୀ ନୀଳକମଳ ପ୍ରକାଶନୀ ନାମରେ ନିଜର ପ୍ରକାଶନୀ ସଂସ୍ଥା ଦ୍ୱାରା ଅନେକ ସୃଷ୍ଟିକୁ ପାଠକଙ୍କ ନିକଟରେ ପହଞ୍ଚାଇବା ସହ ଜନ ସାହିତ୍ୟ ପତ୍ରିକା, ବାଲି ରାଇଜ ଶିଶୁ ପତ୍ରିକାର ମଧ୍ୟ ସ୍ରଷ୍ଟା ଥିଲେ। ସେ ନିଜର ସାହିତ୍ୟ ସୃଷ୍ଟି ପାଇଁ ବିଭିନ୍ନ ସାମାଜିକ, ରାଜନୈତିକ ଏବଂ ସାହିତ୍ୟ ଅନୁଷ୍ଠାନ ପକ୍ଷରୁ ପୁରସ୍କୃତ ଏବଂ ସମ୍ମାନିତ ହୋଇଥିଲେ। ତାଙ୍କ ମୃତ୍ୟୁ ଖବର ପାଇ ସମାଜର ବିଭିନ୍ନ ବର୍ଗର ବ୍ୟକ୍ତି ବିଶେଷ ତାଙ୍କ ବାସ ଭବନରେ ଶେଷ ଦର୍ଶନ କରିବା ସହ ସ୍ୱର୍ଗତ ଆତ୍ମାର ସଦ୍‌ଗତି କାମନା କରିଥିଲେ। ଗ୍ରାମ୍ୟ ଶ୍ମଶାନରେ ତାଙ୍କ ଶେଷକୃତ୍ୟ ହୋଇଥିଲା। ବଡ଼ ପୁଅ ଖବରଦାତା ବାସୁଦେବ ଶତପଥୀ ମୁଖାଗ୍ନି ଦେଇଥିଲେ।

### କାଇପଦରରେ ବାଦିପାଲା ଆରମ୍ଭ

ଖୋର୍ଦ୍ଧା,୨।୪(ପ୍ରଭାତ ପାଣିଗ୍ରାହୀ)

ଖୋର୍ଦ୍ଧା ବ୍ଲକ କାଇପଦରରେ ୧୫୪ତମ ବାଦୀପାଲା ଚାଲିଛି। ଗ୍ରାମ ପାଲା କମିଟି ଆନୁକୂଲ୍ୟରେ ୭ଦିନ ବ୍ୟାପୀ ଏହି ପାଲା ଅନୁଷ୍ଠିତ ହେବ। ପ୍ରଥମ ଦିନ ସତ୍ୟନାରାୟଣଙ୍କ ପୂଜାର୍ଚ୍ଚନା, ହୋମଯଜ୍ଞ କରାଯାଇଥିଲା। ପୁରୋହିତ ରବି ମିଶ୍ରଙ୍କ ତତ୍ତ୍ୱାବଧାନରେ ଈଶ୍ୱର ଚନ୍ଦ୍ର ମଙ୍ଗରାଜ ଏବଂ ତାଙ୍କ ସହଧର୍ମିଣୀ କର୍ତ୍ତା ଓ କର୍ତ୍ତ୍ରୀ ଭାବେ ଦାୟିତ୍ୱ ତୁଲାଇଥିଲେ। ଏହି ପାଲା ଗ୍ରାମର ଭାଇଚାରା, ମୈତ୍ରୀର ପ୍ରତୀକ। ଚଳିତବର୍ଷ ଦୁଇଟି ପାଲା ଦଳ ଯୋଗଦେଇଛନ୍ତି। କଟକ ଜିଲା ନରସିଂହପୁରର ଗାୟକ ସତ୍ୟନାରାୟଣ ଜେନା ଓ ସାଥୀ ଏବଂ ବାଙ୍କୀର ସାରଦା ପ୍ରସନ୍ନ ନାୟକ ଓ ସାଥୀ ପାଲା ପରିବେଷଣ କରୁଛନ୍ତି। ଈଶ୍ୱରଙ୍କ କହିବାନୁଯାୟୀ, ପ୍ରତିବର୍ଷ ବାଦୀପାଲା କରାଯାଉଛି। କମିଟି ଏହାକୁ ପରିଚାଳନା କରୁଛି।

# ପରମ୍ପରାକୁ ଜାଗ୍ରତ କରୁଛି ମହୋତ୍ସବ



ଅମୃତ ମହୋତ୍ସବରେ ଯୋଗଦେଇଥିବା ଅତିଥିମାନେ।

ବୋଲଗଡ଼,୨।୪(ଦେବବ୍ରତ ହୋତା)

## ଅମୃତ ଉତ୍ସବ ଉଦ୍‌ଯାପିତ

ପନ୍ଦରଦୋଳ ଯାତ୍ରା ଅବସରରେ ସ୍ଥାନୀୟ ଦୋଳପଡ଼ିଆରେ ବାରପଲ୍ଲୀ ଦୋଳଯାତ୍ରା କମିଟି ପକ୍ଷରୁ ଆୟୋଜିତ ଅମୃତ ଉତ୍ସବ ମଙ୍ଗଳବାର ଉଦ୍‌ଯାପିତ ହୋଇଯାଇଛି। ଉଦଯାପନ କାର୍ଯ୍ୟକ୍ରମରେ କଂଗ୍ରେସ ନେତା ପୃଥ୍ୱୀବଲ୍ଲଭ ପଟ୍ଟନାୟକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ବିବିଧ ପରମ୍ପରାକୁ ମହୋତ୍ସବ ଜାଗ୍ରତ କରୁଛି ବୋଲି କହିଥିଲେ। ମହୋତ୍ସବର ମୁକ୍ତାକାଶ ରଙ୍ଗମଞ୍ଚରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମରେ ଏକକ ଓ ଦଳଗତ କଳାକାରଙ୍କ ପ୍ରଦର୍ଶନ ଦେଖିବା ପାଇଁ ଯାତ୍ରା ପଡ଼ିଆରେ ଭରପୁର ଦର୍ଶକ ଉପସ୍ଥିତ ଥିଲେ। ରାଜ୍ୟ ସଂସ୍କୃତି ବିଭାଗ ପକ୍ଷରୁ ବରଗଡର ଉପାୟ ସାଂସ୍କୃତିକ ଅନୁଷ୍ଠାନ କଳାକାରଙ୍କ ପ୍ରସ୍ତୁତ ସମ୍ବଲପୁରୀ ନୃତ୍ୟ, ବାଲେଶ୍ୱରର ବାସୁକିମାତା କଳା ନିକେତନ ଦ୍ୱାରା କ୍ରିଏଟିଭ ଡ୍ୟାନ୍ସ ସହ ସ୍ଥାନୀୟ ବଂଶୀଧର ସଙ୍ଗୀତ ମହାବିଦ୍ୟାଳୟ ଛାତ୍ରୀଛାତ୍ରଙ୍କ ଓଡ଼ିଶୀ ଓ ସମ୍ବଲପୁରୀ ନୃତ୍ୟ ପ୍ରଦର୍ଶନ ଦର୍ଶକଙ୍କୁ ବାନ୍ଧି ରଖିଥିଲା। କାର୍ଯ୍ୟକ୍ରମ ମଝିରେ ଐତିହାସିକ ରବୀନ୍ଦ୍ର ପରିଡ଼ାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସାଧାରଣ ସଭାରେ ମୁଖ୍ୟବକ୍ତା ଭାବେ ସଂସ୍କୃତି ଗବେଷକ ଚନ୍ଦ୍ରବିଜୟୀ ମିଶ୍ର, ବରିଷ୍ଠ ଆଇନଜୀବୀ ପ୍ରଫୁଲ୍ଲ ମହାନ୍ତି, ସାମାଜିକ କର୍ମୀ ମାନସ ବେହେରା ଓ ମନୋଜ ପ୍ରଧାନ, ଖୋର୍ଦ୍ଧା ବାର୍ ଆସୋସିଏଶନ ସଭାପତି ଜୀବନଜ୍ୟୋତି ମିଶ୍ର, ନୟାଗଡ଼ ଓକିଲ ସଂଘ ସଭାପତି ରଣଜିତ ଦାସ, ଅମିୟ ପଟ୍ଟନାୟକ, ସମବାୟବିତ ଲଲାଟେନ୍ଦୁ କେଶରୀ ସିଂ, ଆଇନଜୀବୀ ରାଜେନ୍ଦ୍ର ପାଲଟାସିଂ, ସ୍ଥାନୀୟ ସରପଞ୍ଚ ଗୀତାଞ୍ଜଳି ସାହୁ ଓ ସମିତିସଭ୍ୟା ନିର୍ମଳା ପ୍ରଧାନ ମଞ୍ଚାସୀନ ଥିଲେ। ଅନୁଷ୍ଠାନ ସମ୍ପାଦକ ମନୋଜ ପଣ୍ଡା ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ଏହି ଅବସରରେ ଅନେକ ଖବରଦାତା ଓ ପ୍ରତିଭାଙ୍କୁ ଅତିଥିମାନେ ସମ୍ବର୍ଦ୍ଧିତ କରିଥିଲେ। ଅବିନାଶ ସୁବୁଦ୍ଧି ସାଂସ୍କୃତିକ କାର୍ଯ୍ୟକ୍ରମ ଓ ଶିକ୍ଷକ ଶ୍ରୀକାନ୍ତ କୁମାର ନାୟକ ମଞ୍ଚ ପରିଚାଳନା କରିଥିଲେ। ସାମାଜିକକର୍ମୀ ବାସୁଦେବ ବେହେରା ଧନ୍ୟବାଦ ଦେଇଥିଲେ। ଶେଷରେ ମେଲୋଡି ବାଦ୍‌ଶାହା କଳାକାରଙ୍କ ସୁମଧୁର ନୃତ୍ୟସଙ୍ଗୀତ ଦର୍ଶକଙ୍କୁ ବିଳମ୍ବିତ ରାତ୍ରୀ ପର୍ଯ୍ୟନ୍ତ ବାନ୍ଧିରଖିଥିଲା।

# ସ୍କନ୍ଦମାତା ବେଶରେ ମା' ବନଦୁର୍ଗା

ନିରାକାରପୁର,୨।୪(ମାନସ ଚନ୍ଦ୍ର ପଟ୍ଟନାୟକ)



ଖୋର୍ଦ୍ଧା ଜିଲା ରାମେଶ୍ୱରସ୍ଥିତ ମା' ବନଦୁର୍ଗାଙ୍କ ପୀଠରେ ବିଶ୍ୱ କଲ୍ୟାଣ ନିମନ୍ତେ ବାସନ୍ତିକ ଦୁର୍ଗାପୂଜା ନବରାତ୍ରର ପଞ୍ଚମ ଦିବସରେ ସ୍କନ୍ଦମାତା ବେଶରେ ମା' ଦର୍ଶନ ଦେଇଛନ୍ତି। ସକାଳୁ ମା'ଙ୍କ ମଙ୍ଗଳ ଆଳତି, କଳଶ ପୂଜା, ସୂର୍ଯ୍ୟ ପୂଜା, ପଞ୍ଚ ଦେବତା ପୂଜା ପରେ ମା'ଙ୍କ ଷୋଡ଼ଶ ଉପଚାରରେ ମଧ୍ୟାହ୍ନ ଧୂପ, ଦୁର୍ଗା ସପ୍ତଶତୀ ଚଣ୍ଡୀ ପାଠ, ସନ୍ଧ୍ୟା ବାଲଭୋଗ, ଆଳତି, ଆଧରପଣା ଓ ମହାପ୍ରସାଦ ମା'ଙ୍କୁ ଅର୍ପଣ ପୂର୍ବକ ରୀତିନୀତି ଅନୁଯାୟୀ ପୂଜାର୍ଚ୍ଚନା କରାଯାଇଛି। ଡ. କୃପାସିନ୍ଧୁ ପଣ୍ଡା ପୂଜାର୍ଚ୍ଚନା କରିଥିବାବେଳେ ପଣ୍ଡିତ ତପନ ମହାପାତ୍ର, ବିଷ୍ଣୁପ୍ରିୟା ପଟ୍ଟଯୋଷୀ ସହଯୋଗ କରିଥିଲେ। ଏହି ଅବସରରେ ଶିକ୍ଷାବିତ୍ ଡ. ଚନ୍ଦ୍ରଧ୍ୱଜ ପଣ୍ଡା, ସୁବ୍ରତ ମିଶ୍ର, ପ୍ରଭାତ ମହାପାତ୍ର, ଡ. ଧରଣୀଧର ପାଣ୍ଡବ ପ୍ରମୁଖ ଶ୍ରଦ୍ଧାଳୁ ଉପସ୍ଥିତ ରହି ମା'ଙ୍କ ଦିବ୍ୟ ବେଶକୁ ଦର୍ଶନ କରିଥିଲେ।

# ଆଜି ମୁଖ୍ୟମନ୍ତ୍ରୀଙ୍କ ଖୋର୍ଦ୍ଧା ଗସ୍ତ

## ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ, ଉଦ୍‌ଘାଟନ କରିବେ


ଜିଲାପାଳ ଚଞ୍ଚଳ ରାଣା ଓ ବିଧାୟକ ପ୍ରଶାନ୍ତ ଜଗଦେବ ସଭାସ୍ଥଳ ଅନୁଧ୍ୟାନ କରୁଛନ୍ତି।

ଖୋର୍ଦ୍ଧା,୨।୪(ପ୍ରଭାତ ପାଣିଗ୍ରାହୀ)

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୁରୁବାର ଖୋର୍ଦ୍ଧା ଗସ୍ତରେ ଆସି ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ ଓ ଉଦ୍‌ଘାଟନ କରିବେ। ଖୋର୍ଦ୍ଧାରେ ଶିଳ୍ପ ପ୍ରକଳ୍ପର ଶିଳାନ୍ୟାସ ସମାରୋହ ନୂତନ ଶିଳ୍ପ ଇଷ୍ଟେଟ ହଳଦୀପଦାରେ ଅନୁଷ୍ଠିତ ହେବ। ଉକ୍ତ ସମାରୋହରେ ମୁଖ୍ୟ ଅତିଥି ଭାବେ ମୁଖ୍ୟମନ୍ତ୍ରୀ ଯୋଗଦେଇ ନୂତନ ପ୍ରକଳ୍ପର ଉଦ୍‌ଘାଟନ ଓ ଶିଳାନ୍ୟାସ ସହ ଉପସ୍ଥିତ ଜନତାଙ୍କୁ ଉଦ୍‌ବୋଧନ ଦେବାର କାର୍ଯ୍ୟକ୍ରମ ରହିଛି। ମୁଖ୍ୟମନ୍ତ୍ରୀ କାଳିବେଡୀଠାରେ ଦୀନଦୟାଲ କର୍ମଚାରୀ ଆବାସ ଯୋଜନା ଅନ୍ତର୍ଗତ ଶ୍ରମିକ ଆବାସ ଗୃହ, ଅରାଙ୍ଗରେ ୬ଟି ନୂତନ ଟେକ୍ସଟାଇଲ ପାର୍କ, ହଳଦୀପଦା, ଗୌଡପୁଟ ଓ ଖଜୁରିଆରେ ନିର୍ମାଣ ହେବାକୁ ଥିବା ଫୁଡ୍ ଏବଂ ଅନ୍ୟ ଶିଳ୍ପ ଅନୁଷ୍ଠାନର ଶିଳାନ୍ୟାସ କରିବେ। ଏନେଇ ଜିଲା ପ୍ରଶାସନର ବରିଷ୍ଠ ଅଧିକାରୀମାନେ ବୁଧବାର ହଳଦୀପଦାସ୍ଥିତ ସଭାସ୍ଥଳ ପରିଦର୍ଶନ ସହ ସ୍ଥିତି ଅନୁଧ୍ୟାନ କରିଛନ୍ତି। ଜିଲାପାଳ ଚଞ୍ଚଳ ରାଣା, ଏସ୍‌ପି ସାଗରିକା ନାଥ, ଖୋର୍ଦ୍ଧା ବିଧାୟକ ପ୍ରଶାନ୍ତ ଜଗଦେବଙ୍କ ସମେତ ଅନ୍ୟ ପ୍ରଶାସନିକ ଅଧିକାରୀମାନେ ସଭାସ୍ଥଳ ସ୍ଥିତି ଅନୁଧ୍ୟାନ ସହ ସମୀକ୍ଷା କରିଥିଲେ। ମୁଖ୍ୟମନ୍ତ୍ରୀଙ୍କ ଗସ୍ତକୁ ଦୃଷ୍ଟିରେ ରଖି ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି କରାଯାଇଛି।

# ଆଇଆଇଟି ଧାନବାଦରେ ଓଡ଼ିଶୀ ନୃତ୍ୟ ପରିବେଷଣ



କାର୍ଯ୍ୟକ୍ରମରେ କଳାକାରଙ୍କୁ ସମ୍ବର୍ଦ୍ଧିତ କରାଯାଉଛି।

ନିରାକାରପୁର,୨।୪(ମାନସ ଚନ୍ଦ୍ର ପଟ୍ଟନାୟକ)

ଉତ୍କଳ ଦିବସ ଉପଲକ୍ଷେ ଝାଡ଼ଖଣ୍ଡ ଆଇଆଇଟି ଧାନବାଦରେ ଖୋର୍ଦ୍ଧା ଜିଲା ନିରାକାରପୁରସ୍ଥିତ ସାଇଶ୍ରୀ ଡ୍ୟାନ୍ସ ଏକାଡେମୀ ଓଡ଼ିଶୀ ନୃତ୍ୟ ପରିବେଷଣ କରି ଉପସ୍ଥିତ ଦର୍ଶକଙ୍କ ମନ ଜିଣିପାରିଛି। ରାଜ୍ୟ ସଂସ୍କୃତି ବିଭାଗ ପକ୍ଷରୁ ଏହି ଏକାଡେମୀ ରାଜ୍ୟ ବାହାରେ ନିଜର କଳାନୈପୁଣ୍ୟ ପ୍ରଦର୍ଶନ କରିଥିବାରୁ ସ୍ଥାନୀୟ ଅଞ୍ଚଳବାସୀଙ୍କ ତରଫରୁ ଏକାଡେମୀର ସମସ୍ତ କଳାକାରଙ୍କୁ ଶୁଭେଚ୍ଛା ଜ୍ଞାପନ କରାଯାଇଛି। ଏହି ଏକାଡେମୀ ନିର୍ଦ୍ଦେଶିକା ରଞ୍ଜୁକ୍ତା ରାଣୀ ରାଉତରାୟ, ବିଶ୍ୱରଞ୍ଜନ ବଳିଆରସିଂ, ବିଘ୍ନେଶ୍ୱର ରାୟସିଂ, ଦୀପ୍ତିମୟୀ ରାଉତରାୟ, ଅର୍ପିତା ପ୍ରିୟଦର୍ଶିନୀ, ପ୍ରଜ୍ଞା ପ୍ରିୟଦର୍ଶିନୀ ସାହୁ, ଶୁଭଶ୍ରୀ ଦାସ, ସୂର୍ଯ୍ୟକାନ୍ତ ଜେନା, ଶର୍ମିଷ୍ଠା ମାଝୀ, ସ୍ମୃତି ସ୍ନିଗ୍ଧା ପ୍ରଧାନ, ପ୍ରତ୍ୟୁଷା ପ୍ରିୟଦର୍ଶିନୀ ଓ ସିଦ୍ଧିକ୍ଷା ପ୍ରିୟଦର୍ଶିନୀ ପ୍ରମୁଖ କଳାକାର ଓଡ଼ିଶୀ ନୃତ୍ୟ ପରିବେଷଣ କରିଥିଲେ। ଅନୁଷ୍ଠାନ ପକ୍ଷରୁ ସେମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଛି।

# ନୂତନ ଛାତ୍ରୀଛାତ୍ରଙ୍କୁ ଫୁଲ, ଚନ୍ଦନ ଦେଇ ସ୍ୱାଗତ

ଖୋର୍ଦ୍ଧା,୨।୪(ପ୍ରଭାତ ପାଣିଗ୍ରାହୀ)

ଖୋର୍ଦ୍ଧା ଜିଲାର ବିଭିନ୍ନ ବିଦ୍ୟାଳୟରେ ବୁଧବାର ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବାଜପୁର ସରକାରୀ ଉଚ୍ଚ ବିଦ୍ୟାଳୟରେ ଭାରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ସୁଜାତା ମହାପାତ୍ରଙ୍କ ସଭାପତିତ୍ୱରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ବ୍ଲକ ଉପାଧ୍ୟକ୍ଷ ପ୍ରକାଶ ଚନ୍ଦ୍ର ସାମନ୍ତରାୟ, କେଦାରେଶ୍ୱର ପୃଷ୍ଟି, ନନ୍ଦପୁର ସରପଞ୍ଚ ବିପ୍ଳବ କେଶରୀ ବଳିୟାରସିଂ ଯୋଗଦେଇଥିଲେ। ଆଡଖଣ୍ଡିଆ ପ୍ରାଥମିକ ବିଦ୍ୟାଳୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବ୍ଲକ ଅଧ୍ୟକ୍ଷା ଶ୍ରୀମୟୀ ପ୍ରିୟଦର୍ଶିନୀ, ବଙ୍ଗିଦା ସରପଞ୍ଚ ଦିଲୀପ ମହାପାତ୍ର, ଏବିଇଓ ଭରତ ଚନ୍ଦ୍ର ପ୍ରଧାନ ପ୍ରମୁଖ ଅତିଥି ଭାବେ ଯୋଗଦେଇ ପିଲାଙ୍କ ସର୍ବାଙ୍ଗୀନ ବିକାଶ ଉପରେ ଗୁରୁତ୍ୱ ଦେଇଥିଲେ। ଖୋର୍ଦ୍ଧା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନଶିକ୍ଷୟିତ୍ରୀ ବିଜୟଲକ୍ଷ୍ମୀ ପଟ୍ଟନାୟକଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ସାମାଜିକ କର୍ମୀ ବିମଳ ଷଡଙ୍ଗୀ, କମିଟି ସଭାପତି ମୃତ୍ୟୁଞ୍ଜୟ ଦାସ, ଶୋଭା ମହାପାତ୍ର ଯୋଗଦେଇ ପିଲାଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ। ଗୁରୁଜଙ୍ଗ ବିଦ୍ୟାଳୟରେ ପ୍ରଧାନଶିକ୍ଷୟିତ୍ରୀ ଏସ୍.କେ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ କମିଟି ସଭାପତି ସମରେନ୍ଦ୍ରନାଥ ଶତପଥୀ, ସ୍ଥାନୀୟ କାଉନସିଲର ପ୍ରମୁଖ ଅତିଥି ଭାବେ ଯୋଗଦେଇ ପିଲାଙ୍କୁ ଭଲ ପାଠ ପଢ଼ିବାକୁ ପରାମର୍ଶ ଦେଇଥିଲେ।

# ୧୮୦ ଲିଟର ମଦ, ୩ ବାଇକ୍ ଜବତ: ୨ ଅଭିଯୁକ୍ତ ଗିରଫ

ବେଗୁନିଆ,୨।୪(ସନ୍ଧ୍ୟାରାଣୀ ମିଶ୍ର)

ଜିଲା ଅବକାରୀ ବିଭାଗ ପକ୍ଷରୁ ଚଢ଼ାଉ କରାଯାଇ ୧୮୦ ଲିଟର ଦେଶୀ ମଦ ସହ ବ୍ୟବହୃତ ଯନ୍ତ୍ରପାତି ଓ ୨ଟି ବାଇକ୍ ଜବତ କରି ୨ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ବେଗୁନିଆ ଅବକାରୀ ଥାନା ଅଧୀନ ପାଟଣାହାଟ ଓ ଗୌଡପାଟଣା ଗ୍ରାମରୁ ୧୩୦ ଲିଟର ଦେଶୀ ମଦ ସହ ଗୋଟିଏ ସ୍କୁଟି ଓ ବାଇକ୍ ଜବତ ହୋଇଥିବାବେଳେ ତାଳଡୁମ୍ବ ଗ୍ରାମର ସୁକାନ୍ତ କୁମାର ବାରିକ୍ ଗିରଫ ହୋଇଛନ୍ତି। ସେହିପରି ପାଟଣାହାଟରୁ ୫୦ ଲିଟର ଦେଶୀ ମଦ ସହ ୨ଟି ସିଲିଂ ମେଶିନ ଓ ଗୋଟିଏ ବାଇକ୍ ଜବତ କରିଯାଇ ଖଣ୍ଡପଡ଼ା ଥାନା ଅନ୍ତର୍ଗତ ଲିମୁଡ଼ି ଗ୍ରାମର କବିରାଜ ସାହୁଙ୍କୁ ଗିରଫ କରାଯାଇଛି। ଜିଲା ଅବକାରୀ ବିଭାଗ ଅଧିକ୍ଷିକା ସୁମତି ତ୍ରିପାଠୀଙ୍କ ନିର୍ଦ୍ଦେଶ ଓ ସଦର ରେଞ୍ଜ ଅଧିକାରୀ ବୈରାଗୀ ଚରଣ ଭୋଇଙ୍କ ତତ୍ତ୍ୱାବଧାନରେ ଭ୍ରାମ୍ୟମାଣ ଅଧିକାରୀ ଥାର୍ପା ମାରାଣ୍ଡିଙ୍କ ନେତୃତ୍ୱରେ ଏବଂ ବେଗୁନିଆ ଅବକାରୀ ଥାନା ସହଯୋଗରେ ବୁଧବାର ବିଭିନ୍ନ ସ୍ଥାନରେ ଚଢ଼ାଉ କରାଯାଇଥିଲା। ଚଢ଼ାଉରେ ୧୮୦ ଲିଟର ଦେଶୀ ମଦ ସହ ବ୍ୟବହୃତ ଯନ୍ତ୍ରପାତି ଓ ୨ଟି ବାଇକ୍ ଜବତ କରି ୨ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି।

# ଖଡ଼ିଛୁଆଁ ସଂକ୍ରାନ୍ତ ଆଲୋଚନାଚକ୍ର

ବାଣପୁର,୨।୪(ଦିଲୀପ କୁମାର ସ୍ୱାଇଁ)

ବାଣପୁର ବ୍ଲକ ଅନ୍ତର୍ଗତ ବିଧାରପୁରସ୍ଥିତ ଶୁଭ କଲ୍ୟାଣ ମଣ୍ଡପରେ ସାହିତ୍ୟ ସିନ୍ଦୂରା ଆନୁକୂଲ୍ୟରେ ଖଡ଼ିଛୁଆଁ ସଂକ୍ରାନ୍ତ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅବସରପ୍ରାପ୍ତ ଶିକ୍ଷକ ଲକ୍ଷ୍ମୀଚରଣ ପ୍ରଧାନ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥି ଭାବେ ପ୍ରାକ୍ତନ ପ୍ରଧାନ ଶିକ୍ଷକ ଭିକାରୀ ଚରଣ ପ୍ରଧାନ ଓ ମୁଖ୍ୟବକ୍ତା ଭାବେ ବାଣପୁର ଗୋଦାବରୀଶ ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟକ୍ଷ ଡ. ନୃସିଂହ ଚରଣ ପ୍ରଧାନ ଯୋଗଦେଇ ଖଡ଼ିଛୁଆଁ ଉତ୍ସବର ପ୍ରାସଙ୍ଗିକତା ଉପରେ ଆଲୋକପାତ କରିଥିଲେ। ଶିକ୍ଷକ ଶିଶିର କୁମାର ଦାସ, ପ୍ରାକ୍ତନ ସହକାରୀ ଶିକ୍ଷାଧିକାରୀ ସନ୍ଧ୍ୟାରାଣୀ ହରିଚନ୍ଦନ, କ୍ୟାପ୍‌ଟେନ୍ ଭବାନୀ ପ୍ରସାଦ ହୋତା ପ୍ରମୁଖ ଆଲୋଚନାରେ ଭାଗନେଇଥିଲେ। କାର୍ଯ୍ୟକ୍ରମକୁ ସାହିତ୍ୟ ସିନ୍ଦୂରାର ସମ୍ପାଦକ ଗୋଲକ ବିହାରୀ ପରିଡ଼ା ସଂଯୋଜନା କରିଥିବାବେଳେ ଆଇନଜୀବୀ ରବୀନ୍ଦ୍ରନାଥ ମାନସିଂହ ଧନ୍ୟବାଦ ଦେଇଥିଲେ।

# ପିଲାଙ୍କୁ ବିଦ୍ୟାଳୟ ପ୍ରତି ଆକୃଷ୍ଟ କରିବାକୁ ପ୍ରୟାସ

## ଖଡ଼ିଛୁଆଁ କାର୍ଯ୍ୟକ୍ରମ

ଟାଙ୍ଗୀ–ଖୋର୍ଦ୍ଧା,୨।୪(ରଘୁନାଥ ସାହୁ)

ଟାଙ୍ଗୀ ମଣ୍ଡଳସ୍ତରୀୟ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ କାର୍ଯ୍ୟକ୍ରମ ସୁନ୍ଦରପୁର ପଞ୍ଚାୟତ ଚଣ୍ଡୀମଙ୍ଗଳା ପ୍ରାଥମିକ ବିଦ୍ୟାଳୟରେ ବୁଧବାର ଅନୁଷ୍ଠିତ ହୋଇଯାଇଛି। ଗୋଷ୍ଠୀ ଶିକ୍ଷାଧିକାରୀ ବନଲତା ବେହେରା ଏଥିରେ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥି ପଞ୍ଚାୟତ ସମିତି ଅଧ୍ୟକ୍ଷା ରିସ୍ମା ମାନ୍ଧାତା, ସୁନ୍ଦରପୁର ସରପଞ୍ଚ ସୁଜିତ ହାଲ୍‌ଦାର, ସମିତି ସଭ୍ୟା ମମତା ରାଉତ, ସୁକାନ୍ତ ରାଉତ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ସୁଶାନ୍ତ ପରିଡ଼ା, ଆଲୁମ୍‌ନି ସଭାପତି ରବୀନ୍ଦ୍ର ପରିଡ଼ା, ସହଗୋଷ୍ଠୀ ଶିକ୍ଷା ଅଧିକାରୀ ସୁଧାଂଶୁ ମଞ୍ଜରୀ ଦେବୀ, ସଞ୍ଜୁଲତା ବେହେରା, ପ୍ରଧାନ ଶିକ୍ଷୟିତ୍ରୀ ସୁଜାତା ଜେନା ପ୍ରମୁଖ ଯୋଗଦେଇଥିଲେ। ୨୦ ଶିଶୁଙ୍କୁ କିଟ୍ ବଣ୍ଟାଯାଇ ଖଡ଼ିଛୁଆଁଇଥିଲେ। ଏହି ପରିପ୍ରେକ୍ଷୀରେ ମୌଳିକ ସାକ୍ଷରତା, ସଂଖ୍ୟାଜ୍ଞାନ, ସୃଜନଶୀଳତା ଆଧାରରେ ପ୍ରସ୍ତୁତ ୩ଟି ଶିକ୍ଷଣ ସାମଗ୍ରୀ ଷ୍ଟଲ ଅତିଥିଙ୍କ ଦ୍ୱାରା ଉଦ୍‌ଘାଟନ ହୋଇଥିଲା।

ସେହିପରି ବଡ଼ପାରୀ ପଞ୍ଚାୟତ ଅଧୀନ ନୂଆଗାଁ ସରକାରୀ ପ୍ରାଥମିକ ବିଦ୍ୟାଳୟରେ ଶିଶୁବାଟିକା ପ୍ରବେଶ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟ ପରିଚାଳନା କମିଟି ସଦସ୍ୟ, ଅଭିଭାବକ, ସ୍ୱୟଂ ସହାୟକ ଗୋଷ୍ଠୀ ସଦସ୍ୟା ୮ ଜଣ ଛାତ୍ରୀଛାତ୍ରଙ୍କୁ ଫୁଲ ଚନ୍ଦନ ଦେଇ ସ୍ୱାଗତ କରିବା ସହ ପରେ ଖଡ଼ି ଛୁଆଁ ଯାଇଥିଲା। ଅତିଥି ଭାବେ ନାଏବ ସରପଞ୍ଚ ମଧୁସ୍ମିତା ସ୍ୱାଇଁ, ସିଆର୍‌ସିସି ଦୁଃଶାସନ ପ୍ରଧାନ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ମାନସ ରଂଜନ ସ୍ୱାଇଁ ପ୍ରମୁଖ ଯୋଗଦେଇଥିଲେ।

**ନିରାକାରପୁର,(ମାନସ ଚନ୍ଦ୍ର ପଟ୍ଟନାୟକ):** ଟାଙ୍ଗୀ ବ୍ଲକ ଲେଣ୍ଡୋ ପଞ୍ଚାୟତ ଅଧୀନ ରେଙ୍ଗଟା ସରକାରୀ ପ୍ରାଥମିକ ବିଦ୍ୟାଳୟରେ ଖଡ଼ିଛୁଆଁ ପର୍ବ ପାଳିତ ହୋଇଯାଇଛି। ଅତିଥି ଭାବେ ଜିଲା ପରିଷଦ ସଭ୍ୟ ବିଜୟ କୁମାର ପାଲଟାସିଂ, ସ୍ଥାନୀୟ ସରପଞ୍ଚ ବିନୋଦିନୀ ଦାଶ, ଟାଙ୍ଗୀ ବ୍ଲକ ଖବରଦାତା ସଂଘ ଉପସଭାପତି ମାନସ ଚନ୍ଦ୍ର ପଟ୍ଟନାୟକ, ଖବରଦାତା ଉମେଶ ଚନ୍ଦ୍ର ପଟ୍ଟନାୟକ, ହିମାଂଶୁ ଭୂଷଣ ଚମ୍ପତି, ସୁକାନ୍ତଜିତ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ବିଦ୍ୟାଳୟର ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

**କୃଷ୍ଣପ୍ରସାଦ,(କୈଳାଶ ଚନ୍ଦ୍ର ପଟ୍ଟନାୟକ)** କୃଷ୍ଣପ୍ରସାଦ ବ୍ଲକ ମାଲୁଦ ପ୍ରାଥମିକ ବିଦ୍ୟାଳୟରେ ଶିଶୁବାଟିକା ଶ୍ରେଣୀର ଶୁଭାରମ୍ଭ କରାଯାଇଛି। ସ୍ୱତନ୍ତ୍ର ସଭାରେ ବିଆର୍‌ସିସି ସିଦ୍ଧେଶ୍ୱର କରଣ ଯୋଗଦେଇଥିଲେ। ପ୍ରାକ୍ତନ ସିଆର୍‌ସିସି ପ୍ରଦୀପ କୁମାର ଦାସ, ବିଦ୍ୟାଳୟ ସଭାପତି ପିଣ୍ଟୁ ଦାସ, ସେକ୍ ଦାଉଦ, ବିଦ୍ୟାଳୟ ପ୍ରଧାନଶିକ୍ଷକ ଶ୍ରୀକାନ୍ତ ଜେନା ପ୍ରମୁଖ ଉପସ୍ଥିତ ଥିଲେ। ଏହି ଉତ୍ସବ ୩ଦିନ ଯାଏଁ ହେବ ବୋଲି ପ୍ରଧାନଶିକ୍ଷକ ଜେନା କହିଥିଲେ।

**ବେଗୁନିଆ, (ହରପ୍ରସନ୍ନ ପଣ୍ଡା/ ସନ୍ଧ୍ୟାରାଣୀ ମିଶ୍ର):** ବେଗୁନିଆ ବ୍ଲକ ଅଧୀନ ଚକାପଦା ରାମଚଣ୍ଡୀ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ବ୍ଲକସ୍ତରୀୟ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ ପର୍ବ ପାଳିତ ହୋଇଯାଇଛି। ବରିଷ୍ଠ ଗୋଷ୍ଠୀ ଶିକ୍ଷା ଅଧିକାରୀ ଭାସ୍କର ଲେଙ୍କା ଏଥିରେ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥି ଭାବେ ବେଗୁନିଆ ବିଧାୟକ ପ୍ରଦୀପ କୁମାର ସାହୁ ଯୋଗଦେଇ କାର୍ଯ୍ୟକ୍ରମ ଶୁଭାରମ୍ଭ କରିଥିଲେ। ପଞ୍ଚାୟତ ସମିତି ଅଧ୍ୟକ୍ଷ ଲକ୍ଷ୍ମୀଧର ସୁବୁଦ୍ଧି ବକ୍ତା ଭାବେ ଏବଂ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଲକ୍ଷ୍ମୀଧର ସାହୁ, ଜିଲା ପରିଷଦ ସଦସ୍ୟ ଅନାଦି ସାହୁ, ସ୍ଥାନୀୟ ସରପଞ୍ଚ ଜୁଲିତା ଦାଶ, ଶିଶୁ ବିକାଶ ସମନ୍ୱିତ ଅଧିକାରୀ ବିନୋଦିନୀ ପଣ୍ଡା, ଶିକ୍ଷକ ପ୍ରଶିକ୍ଷିକା ଶିଖା ସିଅଳ ପ୍ରମୁଖ ଉପସ୍ଥିତ ଥିଲେ। ପ୍ରାରମ୍ଭରୁ ଶିକ୍ଷା ରଥ ଲୋକାର୍ପଣ ହୋଇଥିଲା। ଏହି ଅବସରରେ ବେଗୁନିଆ ଶିକ୍ଷା ସଙ୍ଗୀତ ଉନ୍ମୋଚନ ହୋଇଥିଲା। ପରେ ୧୨ ଜଣ ଶିଶୁଙ୍କୁ ପ୍ରବେଶ କରାଯାଇ ଖଡ଼ି ଛୁଆଁଇଥିଲେ।

**ଯାଁଳା, (ବୁଲା ବାରିକ):** ଜଟଣୀ ବ୍ଲକ ଗୋଷ୍ଠୀ ଶିକ୍ଷା ଅଧିକାରୀ କାର୍ଯ୍ୟାଳୟ ପରିସରରେ ଥିବା କୃଷ୍ଣଚନ୍ଦ୍ର ସରକାରୀ ବିଦ୍ୟାପୀଠରେ ଖଡ଼ିଛୁଆଁ ଉତ୍ସବ ପାଳିତ ହୋଇଯାଇଛି। ଜଟଣୀ ବିଧାୟକ ବିଭୂତି ଭୂଷଣ ବଳବନ୍ତରାୟ, ଚେୟାରମ୍ୟାନ ଜୟନ୍ତୀ ଛୋଟରାୟ, ଜଟଣୀ ମ୍ୟୁନିସିପାଲିଟି ଅଧ୍ୟକ୍ଷ ଅନନ୍ତ ଚରଣ ବେହେରା, ଗୋଷ୍ଠୀ ଶିକ୍ଷା ଅଧିକାରୀ ରଶ୍ମିବାଳା ପରିଡ଼ା, ବ୍ଲକ ଉନ୍ନୟନ ଅଧିକାରୀ ରଶ୍ମିତା ନାଥ, ବିଆର୍‌ସିସି ପୂର୍ଣ୍ଣଚନ୍ଦ୍ର ବେହେରା, ସିଆର୍‌ସିସି ପୁଷ୍ପଲତା ପରିଡ଼ା, ସରପଞ୍ଚ ଶ୍ରଦ୍ଧାଞ୍ଜଳି ବେହେରା ପ୍ରମୁଖ ଉପସ୍ଥିତ ଥିଲେ।

**ବୋଲଗଡ଼,(ଦେବବ୍ରତ ହୋତା):** ବୋଲଗଡ଼ ଶିକ୍ଷାବ୍ଲକ ଅଧୀନ ପ୍ରାୟ ସମସ୍ତ ବିଦ୍ୟାଳୟରେ ଖଡ଼ି ଛୁଁଆ ଓ ପ୍ରବେଶ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ସ୍ଥାନୀୟ ବିଧାୟକ ପ୍ରଦୀପ ସାହୁ ଯୋଗଦେଇ ଶିଶୁ ବାଟିକା ଉଦ୍‌ଘାଟନ କରିବା ସହ ପିଲାଙ୍କୁ ଖଡ଼ି ଧରାଇ ସିଲଟ ପଟାରେ ବିଦ୍ୟାରମ୍ଭ କରାଇଥିଲେ। ଏହି ଅବସରରେ ବ୍ଲକ ଅଧ୍ୟକ୍ଷା ହୁଲାସ ପ୍ରଧାନ, ଜିଲା ପରିଷଦ ସଭ୍ୟ ସୁବାସ ରାୟଗୁରୁ, ବିଇଓ ଗୋକୁଳ ଚନ୍ଦ୍ର ବଳବନ୍ତରାୟ, ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ପୀତବାସ ଲେଙ୍କା, ସ୍ଥାନୀୟ ସରପଞ୍ଚ ଗୀତାଞ୍ଜଳି ସାହୁ, ସମିତି ସଭ୍ୟା ନିର୍ମଳ ପ୍ରଧାନ ପ୍ରମୁଖ ଉପସ୍ଥିତ ରହି ପିଲାଙ୍କୁ ସ୍ୱାଗତ କରିଥିଲେ।



ବାଣପୁରସ୍ଥିତ ଗୋଦାବରୀଶ ବିଦ୍ୟାଳୟରେ ପ୍ରବେଶ ଉତ୍ସବ କାର୍ଯ୍ୟକ୍ରମରେ ଛାତ୍ରୀଛାତ୍ରଙ୍କ ସହ ଶିକ୍ଷୟିତ୍ରୀ ଶିକ୍ଷକମାନେ।

**ବାଣପୁର,(ଦିଲୀପ କୁମାର ସ୍ୱାଇଁ):** ନାଚୁଣୀ ଗୋଦାବରୀଶ ସରକାରୀ ହାଇସ୍କୁଲରେ ପ୍ରଧାନଶିକ୍ଷକ ବସନ୍ତ ସରଙ୍କ ଅଧ୍ୟକ୍ଷତାରେ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅତିଥି ଭାବେ ଶିକ୍ଷା ପରିଚାଳନା କମିଟି ଅଧ୍ୟକ୍ଷ ପ୍ରଦୋଷ କୁମାର ଦାସ, ଶିକ୍ଷୟିତ୍ରୀ ସ୍ୱାଗତିକା ସ୍ୱାଇଁ, ନୀହାରିକା ପାଇକରାୟ, ଶିକ୍ଷକ ରଣଜିତ କୁମାର ସାହୁ, ହିରଣ୍ୟ କୁମାର ଜାଲି, ବିଶ୍ୱଭୂଷଣ ହରିଚନ୍ଦନ, କିଶୋର କୁମାର ପ୍ରଧାନ, ଅନିତା ଦେବୀ, ଚୋନାଲିନ ମହାରଣା ପ୍ରମୁଖ ଯୋଗଦେଇଥିଲେ। ନୂତନ ଛାତ୍ରୀଛାତ୍ରଙ୍କୁ ଫୁଲ ଚନ୍ଦନ ଦେଇ ମିଷ୍ଟାନ୍ନ ଖୁଆଇ ଶିକ୍ଷାନୁଷ୍ଠାନକୁ ସ୍ୱାଗତ କରାଯାଇଥିଲା। ସେହିପରି ଲୋକିପୁରସ୍ଥିତ ମା' ଇଂଲିଶ୍ ମିଡିୟମ ସ୍କୁଲରେ ଅଧ୍ୟକ୍ଷା ଜୟନ୍ତୀ ପାଇକରାୟଙ୍କ ଅଧ୍ୟକ୍ଷତାରେ ପ୍ରବେଶ ଉତ୍ସବ ପାଳିତ ହୋଇଯାଇଛି। ଅତିଥି ଭାବେ ପରିଚାଳକ ଅଶୋକ କୁମାର ବରାଳ, ଶିକ୍ଷା ନିର୍ଦ୍ଦେଶକ ପ୍ରଦୋଷ କୁମାର ଦାସ ଯୋଗଦେଇଥିଲେ। ନୂତନ ଛାତ୍ରୀଛାତ୍ରଙ୍କୁ ଫୁଲ ଚନ୍ଦନ ଦେଇ ସ୍ୱାଗତ କରାଯାଇଥିଲା। ନାଚୁଣୀ ବାଇପାସ୍ ରୋଡ଼ସ୍ଥିତ ଟ୍ୱିଟି ବାର୍ଡ ଇଂଲିଶ ମିଡିୟମ ସ୍କୁଲରେ ଅଧ୍ୟକ୍ଷ ସୁରେଶ କୁମାର ଦାଶଙ୍କ ଅଧ୍ୟକ୍ଷତାରେ ତଥା ଶିକ୍ଷା ନିର୍ଦ୍ଦେଶକ ପ୍ରଦୋଷ କୁମାର ଦାସଙ୍କ ସଂଯୋଜନାରେ ପ୍ରବେଶ ଉତ୍ସବ ପାଳନ କରାଯାଇଛି। ଛାତ୍ରୀଛାତ୍ରଙ୍କୁ ଫୁଲ ଚନ୍ଦନ ଲଗାଇ ଶିକ୍ଷୟିତ୍ରୀମାନେ ସ୍ୱାଗତ କରିଥିଲେ।

### ପାଞ୍ଚଣା ପ୍ରାଥମିକ ବିଦ୍ୟାଳୟର ବାର୍ଷିକ ଉତ୍ସବ

ଯୋଗେଶ୍ୱରପୁର,(ରଶ୍ମିରଞ୍ଜନ ସାହୁ): ନୟାହାଟ ଫାଣ୍ଡି ଅନ୍ତର୍ଗତ ବଉଲାଙ୍ଗ ପଞ୍ଚାୟତ ଅଧୀନ ପାଞ୍ଚଣା ପ୍ରାଥମିକ ବିଦ୍ୟାଳୟର ଆମ ସଂସ୍କୃତି ଆମ ଖେଳନା ଓ ବାର୍ଷିକ ଉତ୍ସବ ବୁଧବାର ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ପୂର୍ବତନ ସରପଞ୍ଚ କମଳାକାନ୍ତ କୁଅଁର ସମ୍ମାନିତ ଅତିଥି ଭାବେ ଦେଶବନ୍ଧୁ ଉଚ୍ଚ ବିଦ୍ୟାଳୟର ଶିକ୍ଷକ ମନୋଜ କୁମାର ମଲ୍ଲିକ ଯୋଗଦେଇ କହିଛନ୍ତି, କୁନି କୁନି ପିଲାମାନେ ଦେଶର ଭବିଷ୍ୟତ। ଏଥିରେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଭ୍ରମର ବାରିକ, ବିଦ୍ୟାଳୟର ସଭାପତି ନିହାର ରଞ୍ଜନ ଲେଙ୍କା ଓ ପ୍ରଧାନଶିକ୍ଷକ ସଞ୍ଜୟ କୁମାର ସାହୁ ଉକ୍ତ ବାର୍ଷିକ ଉତ୍ସବରେ ସଭାପତିତ୍ୱ କରିଥିଲେ। ଶିକ୍ଷୟିତ୍ରୀ ମଧୁସ୍ମିତା ସାହୁ ଧନ୍ୟବାଦ ଦେଇଥିଲେ।

## ସଂକ୍ଷେପରେ

### ଘରୁ ଲୁଟିଲେ ଲକ୍ଷାଧିକ ଟଙ୍କାର ଅଳଙ୍କାର

ଅସ୍ତରଙ୍ଗ,୨।୪(ପ୍ରଦୀପ୍ତ କୁମାର ଦୀକ୍ଷିତ)

ଅସ୍ତରଙ୍ଗ ଥାନା ତାଳଦା ପଞ୍ଚାୟତ ଡିଆ-ଉିହକରଡ଼ା ଗ୍ରାମରୁ ସୋମବାର ବିଳମ୍ବିତ ରାତିରେ ଦୁର୍ବୃତ୍ତମାନେ ବୁନି ପରିଡ଼ାଙ୍କ ଘରୁ ଲକ୍ଷାଧିକ ଟଙ୍କାର ସୁନା ଅଳଙ୍କାର ସହ ସମସ୍ତ ଆସବାବପତ୍ର ଲୁଟି ନେଇଥିବା ମଙ୍ଗଳବାର ସେ ଥାନାରେ ଅଭିଯୋଗ କରିଛନ୍ତି।

ସୂଚନାଯୋଗ୍ୟ, ଅସ୍ତରଙ୍ଗ ଥାନା ତାଳଦା ପଞ୍ଚାୟତ ଉିହକରଡ଼ା ଗ୍ରାମର ବୁନି ପରିଡ଼ା ପରିବାର ସହ ଭୁବନେଶ୍ୱରରେ ରହୁଛନ୍ତି। କିନ୍ତୁ ଗାଁରେ ଥିବା କେତେକ ଘରକୁ ଭଡ଼ା ଲଗାଇ ଅବଶିଷ୍ଟ ଘର ତାଲା ପକାଇ ଦେଇଥିଲେ। ଗାଁଠାରୁ କିଛି ଦୂରରେ ସୋମବାର ଯାତ୍ରା ହେଉଥିବାରୁ ଭଡ଼ାରେ ରହୁଥିବା ବ୍ୟକ୍ତି ଯାତ୍ରା ଦେଖିବାକୁ ଯାଇଥିଲେ। ଏହାର ସୁଯୋଗ ନେଇ ଦୁର୍ବୃତ୍ତମାନେ ବୁନି ପରିଡ଼ାଙ୍କ ସବୁ ଘରର ତାଲା ଭାଙ୍ଗିବା ସହ ସିନ୍ଦୁକ ତାଲା ଭାଙ୍ଗି ରୁପା ବାସନ ସେଟ, ପାଉଁଜି, ଗୋଟିଏ ଚେନ୍, ଗୋଟିଏ ମୁଦି, ଏକ ହଳ କାନଫୁଲ ସହ ଭଡ଼ାରେ ରହୁଥିବା ବ୍ୟକ୍ତି ରଖିଥିବା ଗୋଟିଏ ଚେନ, ମୁଦି ସହ ୨୦ହଜାର ଟଙ୍କା ନେଇ ଯାଇଛନ୍ତି। ଏନେଇ ପରିଡ଼ା ଥାନାରେ ଅଭିଯୋଗ କରିବା ପରେ ପୋଲିସ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି। ଖବରପାଇ ଅସ୍ତରଙ୍ଗ ଥାନା ଏଏସ୍ଆଇ ପ୍ରଶାନ୍ତ ବିଶ୍ୱାଳ ଓ ହାବିଲ୍ଦାର ସଞ୍ଜୟ ମହାନ୍ତି ଘଟଣାସ୍ଥଳରେ ପହଞ୍ଚିସ୍ଥିତି ଅନୁଧ୍ୟାନ କରିଛନ୍ତି।

### ୧୮୦ ୟୁନିଟ୍ ରକ୍ତ ସଂଗ୍ରହ

ପୁରୀ,୨।୪(ଅଜିତ୍ କୁମାର ମହାନ୍ତି)

ଆଶ୍ୱସ୍ତିଫାଉଣ୍ଡେଶନ ଟ୍ରଷ୍ଟ ତରଫରୁ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ମୋଟ ୧୮୦ ୟୁନିଟ ରକ୍ତ ସଂଗ୍ରହ କରାଯାଇଥିଲା। ମୁଖ୍ୟ ଅତିଥି ଭାବେ ପୁରୀ ବାର୍ ଆସୋସିଏଶନ୍ ସଭାପତି ପ୍ରେମାନନ୍ଦ ମହାନ୍ତି, ମୁଖ୍ୟ ବକ୍ତା ଭାବେ ପୂର୍ବତନ ବିଧାୟକ ଜୟନ୍ତ କୁମାର ଷଡ଼ଙ୍ଗୀ, ସମ୍ମାନିତ ଅତିଥି ଭାବେ ଶ୍ରୀମନ୍ଦିର କାର୍ଯ୍ୟାଳୟର ସିନିୟର୍ ସୁପରଭାଇଜର୍ ବଙ୍କିରାମଚନ୍ଦ୍ର ପ୍ରତିହାରୀ, ଶିଳ୍ପପତି ବ୍ରିଜ ବିହାରୀ ମିଶ୍ର, ସରକାରୀ ଓକିଲ ଭଗବାନ ପ୍ରତିହାରୀ, ଶ୍ରୀମନ୍ଦିର ଛତାର ନିଯୋଗ ସମ୍ପାଦକ ଦୁର୍ଗା ପ୍ରସାଦ ପଣ୍ଡା, ଭଜଜାଗା ଅନୁଷ୍ଠାନର ସମ୍ପାଦକ ମାଧବଚନ୍ଦ୍ର ପଣ୍ଡା, ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜର ଶଙ୍କର ପଣ୍ଡା, ଶିଶୁ ସାହିତ୍ୟିକ ସୁକାନ୍ତ ପଣ୍ଡା, ସମାଜସେବୀ ବଳରାମ ଦାଶ, ବ୍ରଜ କିଶୋର ସାହୁ ଯୋଗଦେଇଥିଲେ। ସଂଘର ସଭାପତି ଦୀପକ ପଣ୍ଡା କାର୍ଯ୍ୟକ୍ରମ ପରିଚାଳନା କରିଥିବାବେଳେ ସମ୍ପାଦିକା ଗିରିଜା ମଞ୍ଜରୀ ପଣ୍ଡା ଧନ୍ୟବାଦ ଦେଇଥିଲେ।

### ବିଶ୍ୱଶାନ୍ତି ଯଜ୍ଞ ପାଇଁ କଳସଯାତ୍ରା, ଅଷ୍ଟପ୍ରହରୀ

ଚାରିଛକ,୨।୪(ଶିଶିର ସ୍ୱାଇଁ)

ଚାରିଛକ ନିକଟସ୍ଥ ତୁଳସୀପୁର ପଞ୍ଚାୟତ ଅମରପ୍ରସାଦରେ ଥିବା ସାଇବାବାଙ୍କ ସପ୍ତମ ବାର୍ଷିକ ବିଶ୍ୱଶାନ୍ତି ଯଜ୍ଞ ପାଇଁ ନିକଟସ୍ଥ ଅମରେଶ୍ୱର ମହାଦେବ ପୀଠ ପୁଷ୍କରିଣୀରୁ କଳସଧାରୀମାନେ କଳସ ଆଣି ଯଜ୍ଞମଣ୍ଡପରେ ସ୍ଥାପନ କରିଥିଲେ। ଏହି ବିଶ୍ୱଶାନ୍ତି ମହାଯଜ୍ଞ କାର୍ଯ୍ୟକ୍ରମରେ କର୍ତ୍ତା ଭାବେ ମନୋରଞ୍ଜନ ପାଢ଼ୀ ଓ କର୍ତ୍ତ୍ରୀ ଭାବେ ଜ୍ୟୋତିରାଣୀ ପାଢ଼ୀ ପୂଜାକର୍ମରେ ବସିଥିବା ବେଳେ ଅମର ପ୍ରସାଦ ଗ୍ରାମରେ ସପ୍ତମ ବାର୍ଷିକ ଅଷ୍ଟପ୍ରହରୀ କାର୍ଯ୍ୟକ୍ରମରେ କର୍ତ୍ତା ଭାବେ ଦୁଲେଇ ସାହୁ ଓ କର୍ତ୍ତ୍ରୀଭାବେ ପ୍ରେମଲତା ସାହୁ କାର୍ଯ୍ୟ ତୁଲାଇଥିଲେ। ଯଜ୍ଞରେ ମୁଖ୍ୟ ପଣ୍ଡିତ ଅକ୍ଷୟ ମିଶ୍ରଙ୍କ ସହିତ ଆଲୋକ ମିଶ୍ର ସହଯୋଗ କରିଥିଲେ।

# ଶିଶୁବାଟିକାର ଶୁଭାରମ୍ଭକଲେ ଉପମୁଖ୍ୟମନ୍ତ୍ରୀ



ସମାରୋହରେ ଉପମୁଖ୍ୟମନ୍ତ୍ରୀ ଓ ମଞ୍ଚାସୀନ ଅତିଥିବୃନ୍ଦ।

ନିମାପଡ଼ା,୨।୪(ବିଚିତ୍ରାନନ୍ଦ ସାହୁ)

ରାଜ୍ୟର ପ୍ରତି ପଞ୍ଚାୟତରେ ଗୋଦାବରୀଶ ମିଶ୍ର ଆଦର୍ଶ ବିଦ୍ୟାଳୟ ପ୍ରତିଷ୍ଠା ହେବ ଓ ରାଜ୍ୟର ପ୍ରତି ବ୍ଲକ୍‌ରେ ନୂତନ ଭାବେ ଷ୍ଟାଡିୟମ ପ୍ରତିଷ୍ଠା କରାଯିବ ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି। ନିମାପଡ଼ା ଓ ଗୋପ ବ୍ଲକ୍ ପକ୍ଷରୁ ନିମାପଡ଼ା ବ୍ଲକ୍‌ର ଦିଘାଲୋ ନୀଳକଣ୍ଠେଶ୍ୱର ସରକାରୀ ଉଚ୍ଚବିଦ୍ୟାଳୟଠାରେ ଆୟୋଜିତ ମଣ୍ଡଳସ୍ତରୀୟ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ, ଶିଶୁବାଟିକା କାର୍ଯ୍ୟକ୍ରମକୁ ଉପମୁଖ୍ୟମନ୍ତ୍ରୀ ପରିଡ଼ା ଶୁଭାରମ୍ଭ କରିବା ସହ ଜାତୀୟ ଶିକ୍ଷାନୀତି ସମ୍ପର୍କରେ ଲୋକମାନଙ୍କୁ ଅବଗତ କରିବା ଉଦ୍ଦେଶ୍ୟରେ ୨ ସଚେତନତା ରଥ ପରିକ୍ରମାର ଉଦ୍‌ଘାଟନ କରିବା ସହ ଖଡ଼ିଛୁଆଁ ଉତ୍ସବର ଶୁଭାରମ୍ଭ କରିଥିଲେ। ସମାରୋହରେ ବ୍ଲକ ଶିକ୍ଷାଧିକାରୀ ଦ୍ୱିତୀକାନ୍ତ ପ୍ରଧାନ ଅଧ୍ୟକ୍ଷତାକରି ସ୍ୱାଗତ ଭାଷଣ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଗୋପ ବ୍ଲକ୍ ଶିକ୍ଷାଧିକାରୀ ସୁନୀଲ କୁମାର ବ୍ରହ୍ମା, ଗୋପ ବ୍ଲକ ଅଧ୍ୟକ୍ଷା ଝୁନୁ ମଲ୍ଲିକ, ଉପାଧ୍ୟକ୍ଷ ବନରଞ୍ଜନ ପଟ୍ଟନାୟକ, ନିମାପଡ଼ା ଏନ୍ଏସି ଅଧ୍ୟକ୍ଷା ସସ୍ମିତା ସାହୁ, ଜିଲା ପରିଷଦ ସଦସ୍ୟ ପ୍ରମୋଦ ରାୟ, ଏମ୍‌ପିଙ୍କ ନିମାପଡ଼ା ବ୍ଲକ ପ୍ରତନିଧି ପୂର୍ଣ୍ଣଚନ୍ଦ୍ର ଓଝା, ଏମ୍‌ପିଙ୍କ ନିମାପଡ଼ା ଏନ୍ଏସି ପ୍ରତିନିଧି ମୀନଲତା ମହାନ୍ତି, ଏମ୍‌ପିଙ୍କ ଗୋପ ବ୍ଲକ ପ୍ରତିନିଧି ସୁଶାନ୍ତ ସ୍ୱାଇଁ, ସରପଞ୍ଚ ନିରୁପମା ପ୍ରଧାନ, ସମିତିସଭ୍ୟା ତିଲୋତ୍ତମା ବାରିକ, ଦିଘାଲୋ ନୀଳକଣ୍ଠେଶ୍ୱର ସରକାରୀ ଉଚ୍ଚବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ କବିତା ସେନାପତି ପ୍ରମୁଖ ଉପସ୍ଥିତ ଥିଲେ। ଉତ୍ସବରେ ଶତାଧିକ ଶିକ୍ଷୟିତ୍ରୀଶିକ୍ଷକ, ବହୁ ସିଆର୍‌ସିସି ଯୋଗଦେଇଥିଲେ।

# ଗଡ଼ିଲା ଶିକ୍ଷା ସଚେତନତା ରଥ



ଖଡ଼ିଛୁଆଁ ସଚେତନତା ରଥକୁ ଅତିରିକ୍ତ ଜିଲାପାଳ ଶରତ ଚନ୍ଦ୍ର ବେହେରା ଶୁଭାରମ୍ଭ କରୁଛନ୍ତି।

### ଜିଲାସ୍ତରୀୟ ବିଦ୍ୟାଳୟ ପ୍ରବେଶ ଉତ୍ସବ, ଖଡ଼ିଛୁଆଁ

ପୁରୀ,୨।୪(ଅଜିତ୍ କୁମାର ମହାନ୍ତି)

ପୁରୀ ଜିଲାସ୍ତରୀୟ ଓ ପୁରୀ ସଦର ବ୍ଲକସ୍ତରୀୟ ବିଦ୍ୟାଳୟ ପ୍ରବେଶ ଉତ୍ସବ ଏବଂ ଖଡ଼ିଛୁଆଁ କାର୍ଯ୍ୟକ୍ରମ ବୁଧବାର ପୋଲିସ ହାଇସ୍କୁଲ ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଜିଲାପାଳ (ପ୍ରଶାସନ) ଶରତ ଚନ୍ଦ୍ର ବେହେରା ଏହି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଜିଲା ଶିକ୍ଷା ଅଧିକାରୀ ଦୀପକ କୁମାର ପାଢ଼ୀଙ୍କ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଜିଲା ସୂଚନା ଓ ଲୋକସମ୍ପର୍କ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ, ଅତିରିକ୍ତ ଜିଲା ଶିକ୍ଷା ଅଧିକାରୀ ମମତା ମିଶ୍ର, ହିମାଂଶୁ ଭୂଷଣ ସମରଥ, ଜିଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନର ଅଧ୍ୟକ୍ଷ ସନ୍ତୋଷ କୁମାର ପରିଡ଼ା, ଦେବସ୍ମିତା ମହାପାତ୍ର, ରତିକାନ୍ତ ସାହୁ, ସ୍ୱାଧୀନ କୁମାର ପ୍ରଧାନ, ରାମକୃଷ୍ଣ ଦାସ, ଅମିୟ ରଞ୍ଜନ ପରିଡ଼ା, ପୁରୀ ସଦର ମଣ୍ଡଳ ଶିକ୍ଷା ଅଧିକାରୀ ପ୍ରମୋଦ କୁମାର କର, ଜିଲା ସାଧନ ସଂଯୋଜକ ରମେଶ ଚନ୍ଦ୍ର ସାହୁ, ଅନୁସୂଚିତ ଜାତି ଓ ଜନଜାତି ସଂଯୋଜକ ବରଦା ପ୍ରସନ୍ନ ରାଉତ, ପ୍ରଧାନଶିକ୍ଷକ ଶିବରାମ ମିଶ୍ର, ସଦର ବ୍ଲକର ସମସ୍ତ ସିଆର୍‌ସିସି, ଶିକ୍ଷୟିତ୍ରୀ ଶିକ୍ଷକ ଉପସ୍ଥିତ ଥିଲେ। ଏହି ଅବସରରେ ପିଲାଙ୍କୁ ମା'ମାନେ ମଞ୍ଚ ଉପରେ ଖଡ଼ିଛୁଆଁ କରାଇ ଶିକ୍ଷାରମ୍ଭ କରିଥିଲେ। ପିଲାଙ୍କ ମୌଳିକ ସାକ୍ଷରତା ଓ ସଂଖ୍ୟାଜ୍ଞାନ ବୃଦ୍ଧି ପାଇଁ ବିଭିନ୍ନ ପ୍ରକାରର ଶିକ୍ଷଣ ସାମଗ୍ରୀ, ବାଲୁକା କୋଣ, ଯାଦୁପେଡ଼ି ଇତ୍ୟାଦିର ପ୍ରଦର୍ଶନ ସହ ଛାୟା ନାଟକ ଓ ନାଚଗୀତ କାର୍ଯ୍ୟକ୍ରମକୁ ଅଧିକ ଆକର୍ଷଣୀୟ କରିଥିଲା। ଶିଶୁ ବାଟିକାରେ ନାମଲେଖା କାର୍ଯ୍ୟକ୍ରମ ସହ ଶିକ୍ଷା ସଚେତନତା ରଥ ଉଦ୍‌ଘାଟନ କରାଯାଇଛି। ଏହି ରଥ ୯ ଦିନ ଧରି ସଚେତନତା ସୃଷ୍ଟି କରିବ।

# ବସ୍ତି ଏରିଆ ଡେଭଲପ୍‌ମେଣ୍ଟ କାଉନ୍‌ସିଲକୁ ଉମଙ୍ଗ ସମ୍ମାନ



'ଦି ବେଲ୍' ପକ୍ଷରୁ ଅନୁଷ୍ଠିତ ଉମଙ୍ଗ କାର୍ଯ୍ୟକ୍ରମରେ ଭାଗନେଇଥିବା ପିଲାମାନେ।

ପୁରୀ,୨।୪(ଅଜିତ୍ କୁମାର ମହାନ୍ତି)

ପୁରୀ ଜିଲା ସ୍ୱେଚ୍ଛାସେବୀ ସାମ୍ମୁଖ୍ୟ 'ଦି ବେଲ୍' ପକ୍ଷରୁ ବଳିଆପଣ୍ଡାରେ ଏକଲବ୍ୟ ପାଠଶାଳା ଖୋଲାଯାଇଛି। ଏହି ପାଠଶାଳାର ପ୍ରଥମ ପ୍ରତିଷ୍ଠା ଉତ୍ସବ 'ଉମଙ୍ଗ-୨୦୨୫' ବଳିଆପଣ୍ଡାସ୍ଥିତ ଭାରତ ଯୋଗକେନ୍ଦ୍ରଠାରେ ମଙ୍ଗଳବାର ପାଳିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଜିଲା ଶିଶୁ ସୁରକ୍ଷା ୟୁନିଟ୍‌ର ଶିଶୁ ସୁରକ୍ଷା ଅଧିକାରୀ ମନୋଜ ତ୍ରିପାଠୀ ଯୋଗଦେଇ ଅନୁଷ୍ଠାନର ଉଦ୍ୟମକୁ ପ୍ରଶଂସା କରିଥିଲେ। ଦି ବେଲ୍ ଅଧ୍ୟକ୍ଷ ସିଦ୍ଧାର୍ଥ ରାୟ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇଥିଲେ। ଯୋଗକେନ୍ଦ୍ର ସମ୍ପାଦକ ରମାବଲ୍ଲଭ ମହାପାତ୍ର ସଭାପତିତ୍ୱ କରିଥିଲେ। ପାଠଶାଳା ସଞ୍ଚାଳକ ଉମେଶ ଦାସ ସ୍ୱାଗତ ଭାଷଣ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ପରିବର୍ତ୍ତନ ଓଡ଼ିଶା ଅଧ୍ୟକ୍ଷ ଜିତେନ୍ଦ୍ର ମହାପାତ୍ର, ଶ୍ରୀମନ୍ଦିର ସେବାୟତ ଗୌରୀ ଶଙ୍କର ସିଂହାରୀ, ନାରାୟଣ ଦାସ ମେମୋରିଆଲ ଟ୍ରଷ୍ଟ ଅଧ୍ୟକ୍ଷ କୃଷ୍ଣଚନ୍ଦ୍ର ଦାସ, ଶ୍ରୀଜଗନ୍ନାଥ ଫାଉଣ୍ଡେଶନ ସଦସ୍ୟ ଲକ୍ଷ୍ମୀ ବାରିକ, ଶିଳ୍ପୀ ରବିନାରାୟଣ ସାହୁ ପ୍ରମୁଖ ମଞ୍ଚାସୀନ ଥିଲେ। ବସ୍ତି ଅଞ୍ଚଳରେ ଉତ୍ତମ କାର୍ଯ୍ୟ କରିଥିବା ବସ୍ତି ଏରିଆ ଡେଭଲପ୍‌ମେଣ୍ଟ କାଉନସିଲ, ବାଲେଶ୍ୱରକୁ ଉମଙ୍ଗ ସମ୍ମାନ-୨୦୨୫ ପ୍ରଦାନ କରାଯାଇଥିଲା। ଅନୁଷ୍ଠାନର ସମ୍ପାଦିକା ରାଜଲକ୍ଷ୍ମୀ ଦାସ ଏହି ସମ୍ମାନ ଗ୍ରହଣ କରିଥିଲେ। ସିଲି ସେଠୀ ଓ ପ୍ରତ୍ୟାଶା କାନୁନ୍‌ଗୋ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ବରିଷ୍ଠ ସଦସ୍ୟ ରାଜକିଶୋର ପାତ୍ର, ବ୍ରଜକିଶୋର ସାହୁ, ବିଜୟ ମିଶ୍ର, ନାରାୟଣ ଦାସ, ସଞ୍ଜୟ କୁମାର ପଟ୍ଟନାୟକ, ରଞ୍ଜିତ ନାୟକ, ସଞ୍ଜୟ ପ୍ରଧାନ ମଞ୍ଚାସୀନ ଥିଲେ। ଦି ବେଲ୍ ୟୁଥ୍ କ୍ଲବ୍ ଏବଂ ଓମେନ୍ସ କ୍ଲବ୍ ସଦସ୍ୟ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅନୁଷ୍ଠାନର ଉପାଧ୍ୟକ୍ଷ ସୁକାନ୍ତ ପଣ୍ଡା ଧନ୍ୟବାଦ ଦେଇଥିଲେ। ଏକଲବ୍ୟ ପାଠଶାଳାର ଛାତ୍ରୀଛାତ୍ରମାନେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ।

### ମାତୃଭୂମି, ମାତୃଭାଷାର ସ୍ଥାନ ସବୁଠାରୁ ଉର୍ଦ୍ଧ୍ୱରେ

ପିପିଲି,୨।୪(ଦୁର୍ଗା ମାଧବ ମିଶ୍ର)

ମାତୃଭୂମି ଓ ମାତୃଭାଷାର ସ୍ଥାନ ସବୁଠାରୁ ଉର୍ଦ୍ଧ୍ୱରେ ବୋଲି ପିପିଲି ଜଇସପାଟଣା ନିକଟ ଭାଲିଆବିଲିସ୍ଥିତ ପିପିଲି ସାଂସ୍କୃତିକ ପରିଷଦ ପକ୍ଷରୁ ଆୟୋଜିତ ଓଡ଼ିଶା ଦିବସ ସମାରୋହରେ ଅତିଥିମାନେ ମତବ୍ୟକ୍ତ କରିଛନ୍ତି। ଅତିଥିମାନଙ୍କୁ ଜଇସପାଟଣା ଛକଠାରୁ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ସ୍କାଉଟ୍ ଛାତ୍ରମାନେ ଲ୍ୟୁଟ୍‌ନାଣ୍ଟ ଜେନେରାଲ ନାରାୟଣ ମହାନ୍ତି, ମୁଖ୍ୟ ଅତିଥି ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର, ପିପିଲି ବିଧାୟକ ଆଶ୍ରିତ ପଟ୍ଟନାୟକ, ଆଇଆଇଡବ୍ଲ୍ୟୁଏମ୍ ଭୁବନେଶ୍ୱରର ନିର୍ଦ୍ଦେଶକ ଡ. ଅର୍ଜ୍ଜମାଦତ୍ତ ଷଡ଼ଙ୍ଗୀ, ବିଶିଷ୍ଟ ଐତିହାସିକ ନୀହାର ରଞ୍ଜନ ପଟ୍ଟନାୟକ, ପିପିଲି ସାଂସ୍କୃତିକ ପରିଷଦର ସଭାପତି ଇଂ. ଜିତେନ୍ଦ୍ରୀୟ ପଟ୍ଟନାୟକ, ପିପିଲି ସାଂସ୍କୃତିକ ପରିଷଦର କ୍ରୀଡ଼ା ସମ୍ପାଦକ ପ୍ରକାଶ ମିଶ୍ର, ପିପିଲି ଆମ୍ବା ଅଧ୍ୟକ୍ଷ ସୁବୋଧ ମହାନ୍ତି, ପିପିଲି ଆଦିତ୍ୟ ବିର୍ଲା ସ୍କୁଲ୍ ଶିକ୍ଷୟିତ୍ରୀ ବନ୍ଦିତା ପରିଡ଼ା ପ୍ରମୁଖଙ୍କୁ ପାଛୋଟି ଆଣିଥିଲେ। ପିପିଲି ସାଂସ୍କୃତିକ ପରିଷଦର ଉପସଭାପତି ଦୀନବନ୍ଧୁ ବେହୁରା ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ଶେଷରେ ପଲ୍ଲବୀ ଓ ପିପିଲି ପ୍ରାଚୀ ସଙ୍ଗୀତ ବିଦ୍ୟାଳୟ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

### ପ୍ରବେଶ ଉତ୍ସବରେ ବାଲୁକାକଳା

ପୁରୀ,୨।୪(ଅଜିତ୍ କୁମାର ମହାନ୍ତି)

ପିଲାଙ୍କୁ ବିଦ୍ୟାଳୟ ପ୍ରତି ଆକର୍ଷିତ କରିବା ସହ ସେମାନଙ୍କୁ ଏକ ସୁନ୍ଦର ପରିବେଶ ଦେବା ପାଇଁ ସରକାରଙ୍କ ପକ୍ଷରୁ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି। ଏହାକୁ ବୁଧବାର ପ୍ରତ୍ୟେକ ବିଦ୍ୟାଳୟରେ ଆଡ଼ମ୍ବର ଭାବେ ପାଳନ କରାଯାଇଛି। ବିଶ୍ୱମ୍ଭର ବିଦ୍ୟାପୀଠରେ ପିଲାଙ୍କୁ ଫୁଲ, ଚନ୍ଦନ ଦେଇ ସ୍ୱାଗତ କରାଯାଇଥିଲା। ଶିକ୍ଷକ ଆଶିଷ ଜେନା ଏକ ସୁନ୍ଦର ବାଲୁକା କଳା ମାଧ୍ୟମରେ ପିଲାଙ୍କୁ ସ୍ୱାଗତ ଜଣାଇଥିଲେ। ପିଲାମାନେ ଏହାକୁ ଦେଖି ଖୁସି ହୋଇଥିଲେ। ଏଥିପାଇଁ ଜେନାଙ୍କୁ ସମସ୍ତେ ଶୁଭେଚ୍ଛା ଜଣାଇଥିଲେ।

### ପ୍ରବେଶ ଉତ୍ସବ, ଖଡିଛୁଆଁ ସହ ଶିଶୁବାଟିକାର ଶୁଭାରମ୍ଭ



ଖଡିଛୁଆଁ ଉତ୍ସବରେ ଉପସ୍ଥିତ ଶିଶୁମାନଙ୍କ ସହ ଶିକ୍ଷୟିତ୍ରୀ ଶିକ୍ଷକମାନେ।

ପୁରୀ,୨।୪(ଅଜିତ୍ କୁମାର ମହାନ୍ତି)

ପୁରୀ ଜିଲାର ସମସ୍ତ ବିଦ୍ୟାଳୟରେ ବୁଧବାର ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ କାର୍ଯ୍ୟକ୍ରମ ସହ ଶିଶୁବାଟିକାର ଶୁଭାରମ୍ଭ ହୋଇଛି। ବିଶ୍ୱମ୍ଭର ବିଦ୍ୟାପୀଠରେ ସୂଚନା ଓ ଲୋକସମ୍ପର୍କ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ ଅତିଥି ଭାବେ ଯୋଗଦେଇ ନୂଆ କରି ନାମ ଲେଖାଇବାକୁ ଥିବା ଶିଶୁମାନଙ୍କୁ ସ୍ୱାଗତ କରିଥିଲେ। ପରେ ଖଡ଼ିଛୁଆଁ ହୋଇଥିଲା। ଶିକ୍ଷଣୀୟ ପ୍ରଦର୍ଶନୀ ଆୟୋଜିତ ହୋଇଥିଲା। ପ୍ରଧାନ ଶିକ୍ଷୟତ୍ରୀ ଶୁଭଶ୍ରୀ ଦାଶ, ଶିକ୍ଷକ ସୁରେଶ ଚନ୍ଦ୍ର ତ୍ରିପାଠୀ, ପାର୍ବତୀ ଦାସ, ରଶ୍ମି ରେଖା ମଲ୍ଲିକ, ସୁଷମା ସିଂ ସାମନ୍ତ, ବିଶ୍ୱଜିତା ପ୍ରିୟଦର୍ଶିନୀ ପ୍ରମୁଖ ଉପସ୍ଥିତ ଥିଲେ। ସେହିପରି ପୁରୀ ଜିଲା ସ୍କୁଲରେ ସୂଚନା ଓ ଲୋକସମ୍ପର୍କ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ ଯୋଗଦେଇ ନୂତନ ଶିଶୁଙ୍କୁ ସ୍ୱାଗତ କରିଥିଲେ। ସଂକୀର୍ତ୍ତନ, ନୃତ୍ୟ ସଙ୍ଗୀତରେ ପିଲାଙ୍କୁ ସ୍ୱାଗତ ସହ ଖଡିଛୁଆଁ କରାଯାଇଥିଲା। ପ୍ରଧାନ ଶିକ୍ଷୟିତ୍ରୀ ଜ୍ୟୋତିର୍ମୟୀ ମିଶ୍ର, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ସୁଧାଂଶୁ ଶେଖର ରାୟ, ଆଲୁମିନି ସମ୍ପାଦକ ରବିନ୍ଦ୍ର କୁମାର ସାହୁ, ଶିକ୍ଷକ ଅରୁଣ ଭଟ୍ଟାଚାର୍ଯ୍ୟ, ବିଦ୍ୟାଧର ମିଶ୍ର, ବିଶ୍ୱଜିତ ବାନାର୍ଜୀ, ସୁଦର୍ଶନ ସାମଲ, ଅମୂଲ୍ୟ ମହାପାତ୍ର, ଅନାମ ଜ୍ୟୋତି ମୁଦୁଲି, ସମ୍ବିତ ବେହେରା, ଉତ୍ତମ ପ୍ରଧାନ, ବିଦ୍ୟାଧର ଜେନା ପ୍ରମୁଖ ଉପସ୍ଥିତ ଥିଲେ।

# ସରକାରୀ ଜମି ଜବରଦଖଲକରି କୋଠା ନିର୍ମାଣ

କୋଣାର୍କ,୨।୪(ଜ୍ୟୋତିରାଜ ମହାନ୍ତି)



ଗୋପ ବ୍ଲକ ଅନ୍ତର୍ଗତ ସିମିଳି ପଞ୍ଚାୟତର ଅନସରା ହାଇସ୍କୁଲ ସାମ୍ନାରେ ଥିବା ସ୍କୁଲ ପଡ଼ିଆକୁ ଅବରୋଧ କରି କେତେଜଣ ଅସାମାଜିକ ଓ ଖଳ ପ୍ରକୃତିର ବ୍ୟକ୍ତି କୋଠାଘର ନିର୍ମାଣ କରୁଛନ୍ତି। ଏହି ବେଆଇନ ନିର୍ମାଣ ଯୋଗୁ ଏହି ଗ୍ରାମର ଏକମାତ୍ର ପଡ଼ିଆର ପ୍ରବେଶ ପଥ ବନ୍ଦ ହୋଇଯିବ। ଏହି ପଡ଼ିଆରେ ବିଭିନ୍ନ ସମୟରେ ବଡ଼ ବଡ଼ ସରକାରୀ ଉତ୍ସବ ଓ ସମାରୋହ ଆୟୋଜିତ ହେଉଥିବାରୁ ସେଥିରେ ମଧ୍ୟ ଏହି କୋଠା ପ୍ରତିବନ୍ଧକ ହେବ। ଜୁଣେଇ-ଅନସରା ଆର୍.ଡି. ରାସ୍ତା କଡ଼ରେ ହେଉଥିବା ଏହି ନିର୍ମାଣ ଯୋଗୁ ଭବିଷ୍ୟତରେ ଏହି ରାସ୍ତାର ପ୍ରଶସ୍ତୀକରଣ ମଧ୍ୟ ହୋଇପାରିବନି। ସରକାରୀ ଜାଗାରେ ଏତାଦୃଶ ବେଆଇନ ନିର୍ମାଣକୁ ବିଭିନ୍ନସ୍ତରରୁ ବିରୋଧ କରାଯାଉଥିଲେ ମଧ୍ୟ ପ୍ରଶାସନିକସ୍ତରରେ କିଛି ପଦକ୍ଷେପ ନିଆଯାଇ ନାହିଁ। ଏ ସମ୍ପର୍କରେ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରେ ଅଭିଯୋଗ ହୋଇଥିବା ବେଳେ ଏହି ଅଭିଯୋଗ ଏବେ ବିଡିଓ ଓ ତହସିଲଦାରଙ୍କ ପାଖରେ ଆସି ପଡ଼ିରହିଛି, ହେଲେ କିଛି ପଦକ୍ଷେପ ନିଆଯାଇ ନାହିଁ। ଏ ସମ୍ପର୍କରେ ସ୍ଥାନୀୟ ସରପଞ୍ଚ ବିଶ୍ୱଜିତ୍ ସ୍ୱାଇଁ କହିଛନ୍ତି, ମୁଁ ଏ ସମ୍ପର୍କରେ ଅବଗତ ଅଛନ୍ତି, ଖୁବଶୀଘ୍ର ଏଥିପ୍ରତି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ କହିଛନ୍ତି।

### ୯ମ, ୧୦ମ ପିଲାଙ୍କୁ ଦିଆଗଲା ମଧ୍ୟାହ୍ନଭୋଜନ

ପିପିଲି,୨।୪(ଦୁର୍ଗା ମାଧବ ମିଶ୍ର)

ସରକାରଙ୍କ ନିର୍ଦ୍ଦେଶ ଅନୁସାରେ ବୁଧବାର ୯ମ ଓ ୧୦ମ ଶ୍ରେଣୀ ପିଲାଙ୍କୁ ମଧ୍ୟାହ୍ନଭୋଜନ ଦିଆଯାଇଛି। ଏଥିସହିତ ବାଲ୍‌ବାଟିକା ଶ୍ରେଣୀଠାରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରୀଛାତ୍ରଙ୍କୁ ପ୍ରାର୍ଥନା ପରେ ପରେ ପୁଷ୍ଟିଯୁକ୍ତ ଲଡ୍ଡୁ ପ୍ରଦାନ କରାଯାଇଛି। ପୂର୍ବରୁ ପ୍ରଥମ ଶ୍ରେଣୀଠାରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ମଧ୍ୟାହ୍ନଭୋଜନ ବ୍ୟବସ୍ଥା କରାଯାଇଥିଲା। ଏବେ ୯ମ ଓ ୧୦ମ ଶ୍ରେଣୀ ପିଲାଙ୍କୁ ମଧ୍ୟାହ୍ନଭୋଜନ ଦିଆଯିବ ବୋଲି ସ୍ଥିର କରାଯାଇଛି। ଏହି ଅନୁସାରେ ପ୍ରାଥମିକ ବିଦ୍ୟାଳୟ ସହ ଗୋବିନ୍ଦପୁର କ୍ଲଷ୍ଟର୍‌ରେ ଥିବା ୩ଟି ମାଧ୍ୟମିକ ବିଦ୍ୟାଳୟ ଗୋବିନ୍ଦପୁର ହାଇସ୍କୁଲ, ବାଲୁଙ୍କେଶ୍ୱର ଉଚ୍ଚ ବିଦ୍ୟାପୀଠ, ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ୯ ମ ଓ ୧୦ମ ଶ୍ରେଣୀ ପିଲାଙ୍କୁ ମଧ୍ୟାହ୍ନଭୋଜନ ଦିଆଯାଇଛି।

# ସଂସ୍କୃତି, ପରମ୍ପରା ବଞ୍ଚିବା ଉପରେ ଗୁରୁତ୍ୱ



### ଗୋପ ଲୋକ ମହୋତ୍ସବ ଉଦ୍‌ଯାପିତ

ଗୋପ,୨।୪(ଭାରତୀ ଭୂଷଣ ଉପାଧ୍ୟାୟ)

ସଂସ୍କୃତି ଓ ପରମ୍ପରା ବଞ୍ଚିଲେ ଆମ ଓଡ଼ିଆ ଜାତି ଆଗକୁ ଯିବ। କାହିଁକି ନା ଓଡ଼ିଆ ଜାତିର ଆରାଧ୍ୟ ଦେବତା ତଥା ବିଶ୍ୱନିୟନ୍ତା ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ୧୨ ମାସରେ ୧୩ ପର୍ବ ଭିତରେ ଆମ ସଂସ୍କୃତି, ପରମ୍ପରା ବଞ୍ଚି ରହିଛି ବୋଲି ବୁଧବାର ଗୋପ ଲୋକ ମହୋତ୍ସବର ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଶିକ୍ଷାବିତ୍ କ୍ଷୀରୋଦ ଚନ୍ଦ୍ର ରାୟ ମହାପାତ୍ର ମତବ୍ୟକ୍ତ କରିଛନ୍ତି। ଗୋପ ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟକ୍ଷ ତଥା ପିଲାଙ୍କ ଖବରକାଗଜ 'ବାନର ସେନା'ର ପ୍ରତିଷ୍ଠାତା ପ୍ରକାଶ ଚନ୍ଦ୍ର ଖଟୋଇଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବେ ଶିକ୍ଷାବିତ୍ ଗୋପୀନାଥ କର, ଡ. ସନ୍ତୋଷ କୁମାର ମିତ୍ର, ପ୍ରଦୀପ୍ତ କୁମାର ମହାନ୍ତି ଓ ଗବେଷକ ସଞ୍ଜୟ ବରାଳ ଯୋଗଦେଇ ମେଳଣ ଆମ ଭିତରେ ଭାଇଚାରା ସୃଷ୍ଟିକରିବା ସହ ଅତୀତକୁ ମନେପକାଇବାର ଏକ ମାଇଲଖୁଣ୍ଟ ବୋଲି ସୂଚନା ଦେଇଥିଲେ। ପରେ ଲୋକ ମହୋତ୍ସବ କମିଟି ପକ୍ଷରୁ ଅତିଥିମାନଙ୍କୁ ସମ୍ମାନିତ କରାଯାଇଥିବା ବେଳେ ଲୋକ ମହୋତ୍ସବର ଘୋଷକ ସଂଗ୍ରାମ କେଶରୀ ଭୋଳଙ୍କୁ ମଧ୍ୟ ସମ୍ମାନିତ କରାଯାଇଥିଲା। ଶେଷରେ ବିଭିନ୍ନ ଅନୁଷ୍ଠାନ ପକ୍ଷରୁ ହଜିଯାଉଥିବା ପାରମ୍ପରିକ ନୃତ୍ୟ ସହ ପରମ୍ପରା ସଂସ୍କୃତିକୁ ନେଇ ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମକୁ ପ୍ରମୋଦ ମହାପାତ୍ର, କାର୍ତ୍ତିକ ପ୍ରଧାନ, ବିଦ୍ୟାଧର ସେନାପତି ପ୍ରମୁଖ ପରିଚାଳନା କରିଥିଲେ।

# ମଣିଷ ସହ ମଣିଷକୁ ଯୋଡ଼ିବାର ମାଧ୍ୟମ ମହୋତ୍ସବ

### ଷୋଡ଼ଶ ଜାଗୃତି ମହୋତ୍ସବ ଉଦ୍‌ଯାପିତ

ପିପିଲି,୨।୪(ପ୍ରଭାତ କୁମାର ମହାପାତ୍ର)



କଳାକାରମାନେ ନୃତ୍ୟ ପରିବେଷଣ କରୁଛନ୍ତି।

ଜାଗୃତି ସାଂସ୍କୃତିକ ଯୁବ ସଂଗଠନ ପକ୍ଷରୁ ପିପିଲି ବଜାର ମେଳନ ପଡ଼ିଆରେ ଅନୁଷ୍ଠିତ ଷୋଡ଼ଶ ଜାଗୃତି ମହୋତ୍ସବ-୨୦୨୫ ଶେଷ ହୋଇଛି। ଉଦ୍‌ଯାପନୀ ସନ୍ଧ୍ୟାର ମୁଖ୍ୟ ଅତିଥି ଭାବେ ହାଇକୋର୍ଟର ବିଶିଷ୍ଟ ଆଇନଜୀବୀ ନିଶିକାନ୍ତ ମିଶ୍ର, ଆଇନଜୀବୀ ନିରଞ୍ଜନ ପତି, ଶିକ୍ଷାବିତ୍ ଧରଣୀଧର ସାହୁ ପ୍ରମୁଖ ଯୋଗ ଦେଇଥିଲେ। ଭାରତୀୟ ନବବର୍ଷ ସହ ଓଡ଼ିଶା ଦିବସ ଉପଲକ୍ଷେ ସଂସ୍କୃତି ପରମ୍ପରାର ଏହି ମହୋତ୍ସବ ମଣିଷକୁ ମଣିଷ ସହିତ ଯୋଡ଼ିବାର ପ୍ରୟାସ ବୋଲି ନିଶିକାନ୍ତ ମିଶ୍ର ମତବ୍ୟକ୍ତ କରିଥିଲେ। କଣ୍ଠଶିଳ୍ପୀ ପମି, ଶଶାଙ୍କ ଶେଖର, ଏଞ୍ଜୋଲା ମିଶ୍ରଙ୍କ ଗୀତରେ ଉପସ୍ଥିତ ଅନେକ ହଜାର ଦର୍ଶକ ଝୁମିଥିଲେ। ଏହି ମହୋତ୍ସବରେ ୭ ମାଟ୍ରିକ୍ ଟପ୍ପର, ୨ଜଣ ନଡ଼ିଆ ଚଢ଼ାଳିଙ୍କ ସମେତ ସ୍କୁଲ ଛାତ୍ରୀଛାତ୍ରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହାସହ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ଅନେକ ସାମାଜିକ କର୍ମୀ ଓ କୃତୀ ଛାତ୍ରୀଛାତ୍ରଙ୍କୁ ଉପଢୌକନ ଓ ମାନପତ୍ର ଦିଆଯାଇ ଉତ୍ସାହିତ କରାଯାଇଥିଲା। କାର୍ଯ୍ୟକ୍ରମରେ ସ୍ଥାନୀୟ ଜାଗୃତି କଳାକାରଙ୍କ ଦ୍ୱାରା ଜାଗୃତି ନୃତ୍ୟାଞ୍ଜଳି, ପଲ୍ଲୀ ନୃତ୍ୟ, କାଞ୍ଚ ଅଭିଯାନ, ମହାଭାରତ, କେବାଳକୁଞ୍ଜୀ ଓ ମିନ୍ଦ୍ରକ ଶୋ' ହଜାର ହଜାର ଦର୍ଶକଙ୍କୁ ଆକର୍ଷିତ କରିଥିଲା। କାର୍ଯ୍ୟକ୍ରମରେ ମୁଖ୍ୟ ଉପଦେଷ୍ଟା ଡ. ସଚ୍ଚିକାନ ନାୟକଙ୍କ ନିର୍ଦ୍ଦେଶନାରେ ସ୍ୱାଗତ ସଙ୍ଗୀତ ଗାନ କରାଯାଇଥିବା ବେଳେ ଅନୁଷ୍ଠାନର ମିଡିଆ ଆବାହକ ତଥା ଖବରଦାତା ମନୋରଞ୍ଜନ ମହାପାତ୍ରଙ୍କ ଦ୍ୱାରା ପିପିଲି ନ୍ୟୁଜ୍‌ରେ ସିଧା ପ୍ରସାରଣ ଲୋକାଭିମୁଖୀ ହୋଇ ପ୍ରଶଂସନୀୟ ହୋଇଥିଲା। ଅନୁଷ୍ଠାନର ବିଭୂତି ସାମନ୍ତରାୟ, ମନୋଜ ପ୍ରଧାନ, ସୁରେନ୍ଦ୍ର ମହାପାତ୍ର, ବିକାଶ ଅଗ୍ରୱାଲ, ମୁନୁ ଅଗ୍ରୱାଲ, ପ୍ରଫୁଲ୍ଲ ସାହୁ, ଗୌରାଙ୍ଗ ଷଡ଼ଙ୍ଗୀ, ବାପୁ ବେହେରା, ସମ୍ପଦ ମହାପାତ୍ର, ଗଜେନ୍ଦ୍ର ବେହେରା, ପ୍ରୀତମ ବେହେରାଙ୍କ ସହ ଜାଗୃତି ସଂଗଠନର ସମସ୍ତ ସଭ୍ୟାସଭ୍ୟ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ୫ ଗୁରୁଙ୍କୁ 'ମୃଦୁଗୁଞ୍ଜନ' ସମ୍ମାନ



ଅତିଥିଙ୍କ ଗହଣରେ ସମ୍ମାନିତ ଗୁରୁମାନେ।

ଭୁବନେଶ୍ୱର,୨।୪(ସୁଚିସ୍ମିତା ସାହୁ)

ନୃତ୍ୟାନୁଷ୍ଠାନ ମୃଦୁଗୁଞ୍ଜନ ପକ୍ଷରୁ ଭଞ୍ଜକଳା ମଣ୍ଡପରେ ତିନୋଟି ପର୍ଯ୍ୟାୟରେ 'ସପ୍ତରଙ୍ଗ' ନୃତ୍ୟ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ନୃତ୍ୟଗୁରୁ ନିରଞ୍ଜନ ରାଉତ ଓ ଗୁରୁ ସନାତନ ନାୟକ ଏହାକୁ ଉଦ୍‌ଘାଟନ କରିଥିଲେ। ଦ୍ୱିତୀୟ ଅଧିବେଶନରେ ଗୀତିକାର ନିଗମାନନ୍ଦ ମିଶ୍ର, ନୃତ୍ୟଗୁରୁ ମମତା ଶତପଥୀ ସୁରେକାର ଓ ନୃତ୍ୟଗୁରୁ ବ୍ରଜକିଶୋର ମଲ୍ଲିକ ଯୋଗଦେଇ କାର୍ଯ୍ୟକ୍ରମ ଉଦ୍‌ଘାଟନ କରିଥିବା ବେଳେ ସୁଶାନ୍ତ ବେହେରା ମଞ୍ଚ ପରିଚାଳନା କରିଥିଲେ। ସନ୍ଧ୍ୟା ଅଧିବେଶନରେ ମୁଖ୍ୟଅତିଥି ଭାବେ ବିଧାୟକ ବାବୁ ସିଂ, ନୃତ୍ୟଗୁରୁ ଡ. ସ୍ନେହପ୍ରଭା ସାମନ୍ତରାୟ, ଏଲ୍. ଏନ୍. ଅଗ୍ରୱାଲ, ସଙ୍ଗୀତ ନାଟକ ଏକାଡେମୀ ସମ୍ପାଦକ ଡ. ଚନ୍ଦ୍ରଶେଖର ହୋତା ଅତିଥି ଭାବେ ଯୋଗଦେଇଥିଲେ। ଏହି ଅବସରରେ ଚଇତି ଘୋଡା ନାଚର ଗୁରୁ ପଦ୍ମଶ୍ରୀ ଡ. ଉତ୍ସବ ଚରଣ ଦାସ, ଓଡିଶୀ ନୃତ୍ୟଗୁରୁ ଡ. ମନୋରଞ୍ଜନ ପ୍ରଧାନ, ନାଟ୍ୟଗୁରୁ ଲାଲା ବୀରେନ ପ୍ରସାଦ ରାୟ, ଓଡିଶୀ ସଙ୍ଗୀତ ଗୁରୁ ନିମାକାନ୍ତ ରାଉତରାୟ ଓ ମର୍ଦ୍ଦଳ ଗୁରୁ ବିଜୟ କୁମାର ବାରିକଙ୍କୁ 'ମୃଦୁଗୁଞ୍ଜନ' ସମ୍ମାନ ପ୍ରଦାନ କରାଯାଇଛି। ରାଜଶ୍ରୀ ପ୍ରହରାଜ ଓ ଗୌରୀଶଙ୍କର ଦାଶ ଏକକ ନୃତ୍ୟ ଏବଂ ବିଶ୍ୱଭୂଷଣ ଚମ୍ପତିରାୟ ଓ ଜଗଜିତ ଦାଶ ଦ୍ୱୈତ ନୃତ୍ୟ ପରିବେଷଣ କରିଥିଲେ। ମୃଦୁଗୁଞ୍ଜନର କଳାକାରମାନେ ଗୁରୁ ରାଜଶ୍ରୀ ମହାପାତ୍ରଙ୍କ ସଂଯୋଜନାରେ ଦଳଗତ ନୃତ୍ୟ ପରିବେଷଣ କରିଥିବା ବେଳେ ପିତାମ୍ବର ବିଶ୍ୱାଳଙ୍କ ନୃତ୍ୟଶିଳ୍ପୀମାନେ ମଧ୍ୟ ଦଳଗତ ନୃତ୍ୟ କରିଥିଲେ। ଇଂ. ଶ୍ରୀନିବାସ ଘଟୁଆରୀ ମଞ୍ଚ ପରିଚାଳନା ଓ ମୃଦୁଗୁଞ୍ଜନ ଅଧକ୍ଷା ଡ. ନମିତା କୁମାର ଷଡଙ୍ଗୀ ଧନ୍ୟବାଦ ଅର୍ପଣ କରିଥିଲେ।

# ଭିଣୋଇଙ୍କୁ ଖଣ୍ଡାରେ ହାଣି ହତ୍ୟା

ବାଲିପାଟଣା,୨।୪
(ଅଭିମନ୍ୟୁ ନାୟକ)

ଖୋର୍ଦ୍ଧା ଜିଲା ବାଲିପାଟଣା ଥାନା ଅଧୀନ ନରଦା ବଜାରରେ ବୁଧବାର ସନ୍ଧ୍ୟାରେ ଏକ ଅଭାବନୀୟ ଘଟଣା ଘଟିଛି। ଜଣେ ବ୍ୟକ୍ତି ତାଙ୍କ ଭିଣୋଇଙ୍କୁ ଖଣ୍ଡାରେ ହାଣି ହତ୍ୟା କରିଛନ୍ତି। ମୃତକ ହେଲେ ପୁରୀ ଜିଲା ନିମାପଡ଼ା ଥାନା ଅଧୀନ ରେଂଘାଳ ଗାଁର ସେକ ମୁସ୍ତାକ ଅଲ୍ଲୀ। ପୋଲିସ ପହଞ୍ଚି ମୃତଦେହ ଜବତ କରିବା ସହ ଅଭିଯୁକ୍ତଙ୍କୁ ଅଟକ ରଖି ତଦନ୍ତ ଚଳାଇଛି।

ଅଭିଯୋଗ ଅନୁଯାୟୀ, ସେକ ମୁସ୍ତାକ ଅଲ୍ଲୀ ନରଦା ବଜାରସ୍ଥିତ ତାଙ୍କ ବଡ଼ ଶଳା ମୀର ତୟା ଅଲ୍ଲୀଙ୍କ ପାନ ଦୋକାନରେ ବସିଥିଲେ। ଏହି ସମୟରେ ସାନ ଶଳା ମୀର ସୟଦ ଅଲ୍ଲୀ ପହଞ୍ଚି ଭିଣୋଇ ସେକ ମୁସ୍ତାକଙ୍କ ବେକକୁ ଏକ ଖଣ୍ଡାରେ ହାଣି ଦେଇଥିଲେ। ଭିଣୋଇଙ୍କୁ ବଞ୍ଚାଇବାକୁ ବଡ଼ ଶଳା ଚେଷ୍ଟା କଲାବେଳେ ମୀର ସୟଦ ତାଙ୍କୁ ମଧ୍ୟ ଆକ୍ରମଣ କରିବାକୁ ଗୋଡ଼ାଇଥିଲେ। ତେବେ ସେ ଦୋକାନ ଭିତରେ ପଶିଯିବାରୁ ବର୍ତ୍ତିଯାଇଥିଲେ। ଘଟଣା ଘଟାଇ ମୀର ସୟଦ ସେଠାରୁ ଦୌଡ଼ି ପଳାଉଥିବାବେଳେ ବାଗଲପୁରଠାରେ ସ୍ଥାନୀୟ ଲୋକେ ତାଙ୍କୁ କାବୁ କରି ପୋଲିସ ଜିମା ଦେଇଛନ୍ତି।



ସେକ ମୁସ୍ତାକ ଅଲ୍ଲୀ

ଏ ସଂକ୍ରାନ୍ତରେ ମୃତକଙ୍କ ପରିବାର ଲୋକଙ୍କ କହିବା ମୁତାବକ, ମୀର ସୟଦ ଓ ତାଙ୍କ ସ୍ତ୍ରୀଙ୍କ ମଧ୍ୟରେ ମନୋମାଳିନ୍ୟ ହୋଇଥିବାବେଳେ ଏନେଇ ମହିଳା କମିଶନରେ ବିଚାର ଚାଲିଛି। ଭିଣୋଇ ଏଥିରେ ହସ୍ତକ୍ଷେପ କରି ତୁଟାଇବାକୁ ମୀର ସୟଦଙ୍କୁ କହିବାରୁ ସେ ରାଜି ହୋଇ ନ ଥିଲେ। ସେ ପୈତୃକ ଜମି ବିକ୍ରି କରିବାକୁ ଜିଦ୍ ଧରିବାରୁ ଶଳା- ଭିଣୋଇଙ୍କ ମଧ୍ୟରେ କିଛି ମାସ ପୂର୍ବରୁ ପାଟିତୁଣ୍ଡ ହୋଇ ବିବାଦ ଲାଗିରହିଥିଲା। ଏ ସଂକ୍ରାନ୍ତରେ ଅଭିଯୁକ୍ତ ମୀର ସୟଦ କହିଛନ୍ତି, ଭିଣୋଇ ଆମ ସ୍ୱାମୀ ସ୍ତ୍ରୀଙ୍କ ଘଟଣାକୁ ସମାଧାନ କରିବା ପରିବର୍ତ୍ତେ ସ୍ତ୍ରୀଙ୍କୁ ଶିଖାଇ ବିଶୃଙ୍ଖଳା ସୃଷ୍ଟି କରୁଥିଲେ। ସନ୍ଧ୍ୟାରେ ତାଙ୍କୁ ସାମ୍ନାରେ ଦେଖିଦେବାରୁ ମୋ ମୁଣ୍ଡକୁ ପିତ୍ତ ଚଢିଗଲା, ମୁଁ ତାଙ୍କୁ ହାଣିଦେଲି।

# ସୂଚନା ଓ ଲୋକସମ୍ପର୍କ ବିଭାଗ କର୍ମଚାରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



ଅବସରପ୍ରାପ୍ତ କର୍ମଚାରୀ ଦୁର୍ଯ୍ୟୋଧନ ବେହେରାଙ୍କୁ ସମ୍ବର୍ଦ୍ଧିତ କରାଯାଉଛି।

ଭୁବନେଶ୍ୱର,୨।୪(ସୁଚିସ୍ମିତା ସାହୁ)

ସୂଚନା ଓ ଲୋକ ସମ୍ପର୍କ ବିଭାଗର ଆଟେଣ୍ଡାଣ୍ଟ ଦୁର୍ଯ୍ୟୋଧନ ବେହେରାଙ୍କୁ ବୁଧବାର ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ବିଭାଗୀୟ ବୈଷୟିକ ନିର୍ଦ୍ଦେଶକ ସୁରେନ୍ଦ୍ର ନାଥ ପରିଡ଼ା, ବିଭାଗୀୟ ଅଧିକାରୀ ସ୍ୱର୍ଣ୍ଣମୟୀ ସାହୁ, କର୍ମଚାରୀ କଲ୍ୟାଣ କମିଟି ସମ୍ପାଦକ ଗିରିଜା ନାୟକ ପ୍ରମୁଖ ଯୋଗଦେଇ ବେହେରାଙ୍କ କାର୍ଯ୍ୟକୁ ପ୍ରଶଂସା କରିବା ସହ ଅବସର ଜୀବନ ସୁଖମୟ ହେଉ ବୋଲି କାମନା କରିଥିଲେ। ଦୁର୍ଯ୍ୟୋଧନ ୧୯୯୧ ମସିହାରେ ବିଭାଗରେ ଯୋଗଦେଇ ନିଷ୍ଠାର ସହ କାର୍ଯ୍ୟ କରିଛନ୍ତି। ତାଙ୍କ ନିଷ୍ଠା ଓ ସମୟାନୁବର୍ତ୍ତିତାକୁ ଅତିଥିମାନେ ପ୍ରଶଂସା କରିବା ସହ ସେ ଜଣେ ଦକ୍ଷ, ସଚ୍ଚୋଟ, ମାର୍ଜିତ କର୍ମଚାରୀ ଭାବେ ନିଜ ଦାୟିତ୍ୱ ନିର୍ବାହ କରିଥିଲେ ବୋଲି ମତବ୍ୟକ୍ତ କରିଥିଲେ।

# ୩୦୦ ୟୁନିଟ୍ ବିଦ୍ୟୁତ୍ ମାଗଣାରେ ଯୋଗାଇବାକୁ ଦାବି




ଟାଟା ପାୱାର ଅଫିସ ସମ୍ମୁଖରେ ସିପିଆଇ ପକ୍ଷରୁ ବିକ୍ଷୋଭ ପ୍ରଦର୍ଶନ କରାଯାଉଛି।

ଭୁବନେଶ୍ୱର,୨।୪
(ସୌମ୍ୟରଞ୍ଜନ ରାଉତ)

ରାଜ୍ୟ ସରକାର ଦେଇଥିବା ନିର୍ବାଚନୀ ପ୍ରତିଶ୍ରୁତି ଅନୁଯାୟୀ ୩୦୦ ୟୁନିଟ୍ ବିଦ୍ୟୁତ୍ ମାଗଣାରେ ଯୋଗାଇ ଦିଆଯାଉ ବୋଲି ସିପିଆଇ ପକ୍ଷରୁ ଦାବି କରାଯାଇଛି। ଏନେଇ ସିପିଆଇ ଭୁବନେଶ୍ୱର ଜୋନ୍ ପକ୍ଷରୁ ସମ୍ପାଦକ ସୁର ଜେନାଙ୍କ ନେତୃତ୍ୱରେ ବୁଧବାର ୟୁନିଟ-୯ ଟାଟା ପାୱାର ଅଫିସ ସମ୍ମୁଖରେ ବିକ୍ଷୋଭ କରାଯାଇଥିଲା। ସିପିଆଇର ଶତାଧିକ କର୍ମୀ ପ୍ଲାକାର୍ଡ ଧରି ୩୦୦ ୟୁନିଟ୍ ପର୍ଯ୍ୟନ୍ତ ବିଦ୍ୟୁତ୍ ଦେୟ ଛାଡ଼ କରିବା ସହ ବିଦ୍ୟୁତ୍ କାଟ ବନ୍ଦ, ଉପଭୋକ୍ତାଙ୍କୁ ଶୋଷଣ ବନ୍ଦ ସହ ଘରୋଇକରଣ ବାତିଲ ଆଦି ଦାବି କରିଥିଲେ। ଦାବି ପୂରଣ ନ ହେଲେ ଆଗାମୀ ଦିନରେ ଆନ୍ଦୋଳନ ଆହୁରି ଜୋରଦାର ହେବ ବୋଲି ଏଆଇଟିୟୁସି ରାଜ୍ୟ ସମ୍ପାଦକ ବିଜୟ ଜେନା, ସିପିଆଇ ସମ୍ପାଦକମଣ୍ଡଳୀ ସଭ୍ୟ ଜୟନ୍ତ ଦାସ ପ୍ରମୁଖ ଚେତାବନୀ ଦେଇଥିଲେ।

# ଦୋକାନୀଙ୍କୁ ଚାପଡ଼ରେ ଆକ୍ରମଣ ଘଟଣାରେ ୩ ଗିରଫ

ଭୁବନେଶ୍ୱର,୨।୪
(ସୂର୍ଯ୍ୟକାନ୍ତ ବେହେରା)

ଦୋକାନୀଙ୍କୁ ଚାପଡ଼ରେ ଆକ୍ରମଣ ଘଟଣାରେ ଖଣ୍ଡଗିରି ପୋଲିସ ଅଭିଯୁକ୍ତଙ୍କ ବିରୋଧରେ ପଦକ୍ଷେପ ଗ୍ରହଣ କରିଛି। ମାମଲାରେ ୩ ଅଭିଯୁକ୍ତଙ୍କୁ ଗିରଫ କରି ବୁଧବାର କୋର୍ଟଚାଲାଣ କରିଛି। ଅଭିଯୁକ୍ତମାନେ ହେଲେ ଖଣ୍ଡଗିରି ଅଞ୍ଚଳର ସୌମ୍ୟ ରଞ୍ଜନ ବେହେରା, ଗଞ୍ଜାମର ସନିଆ ନାୟକ ଓ ନୟାଗଡ଼ର ତପନ ସାମନ୍ତରାୟ। ସେମାନଙ୍କଠାରୁ ଅପରାଧରେ ବ୍ୟବହୃତ ଚାପଡ଼ ଜବତ କରାଯାଇଛି। ଜାମିନ ନ ମିଳିବାରୁ ଅଭିଯୁକ୍ତମାନଙ୍କୁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି। ଆହତ ଚିରଞ୍ଜୀବ ଜୈନ ଏନେଇ ଅଭିଯୁକ୍ତଙ୍କ ବିରୋଧରେ ଖଣ୍ଡଗିରି ଥାନାରେ ମାର୍ଚ୍ଚ ୧୦ରେ ଅଭିଯୋଗ କରିଥିଲେ।

# କ୍ୟାଟରିଂ ଆସୋସିଏଶନର ନୂତନ କର୍ମକର୍ତ୍ତା

ଭୁବନେଶ୍ୱର,୨।୪ (ସୁଚିସ୍ମିତା ସାହୁ)

କ୍ୟାଟରିଂ ଆସୋସିଏଶନ ଅଫ୍ ଓଡିଶାର କର୍ମକର୍ତ୍ତା ନିର୍ବାଚନ ଅନୁଷ୍ଠିତ ହୋଇଯାଇଛି। ଅନୁପ କୁମାର ବାଗାଇ ସଂଘର ଅଧ୍ୟକ୍ଷ ଓ ନବ ରଞ୍ଜନ ପଟ୍ଟନାୟକ ପାର୍ଟନ ହୋଇଥିବା ବେଳେ ବିନୟ ଭୂଷଣ ପଟ୍ଟନାୟକ ସଭାପତି ଓ ଦେବୀ ପ୍ରସାଦ ରଥ ସାଧାରଣ ସମ୍ପାଦକ ପଦ ବଜାୟ ରଖିଛନ୍ତି। ସେହିଭଳି ଏମ୍ ଜୟ ପ୍ରସାଦ ରାଓ କୋଷାଧ୍ୟକ୍ଷ, ପ୍ରବୋଧ କୁମାର ଦାସ ମୁଖ୍ୟ ଦିଗଦର୍ଶକ ଓ ଦେବାଶିଷ ଧଳ ପ୍ରୋ ନିର୍ବାଚିତ ହୋଇଛନ୍ତି। ନିର୍ବାଚନ ପରେ ସଂଘର ବାର୍ଷିକ ସାଧାରଣ ପରିଷଦ ବୈଠକ ଅନୁଷ୍ଠିତ ହୋଇଥିଲା। ସଭାପତି ବିନୟ କହିଛନ୍ତି, ପ୍ରତ୍ୟେକ ସାମାଜିକ ଭୋଜି ଭାତ କିମ୍ବା ଅନ୍ୟ କାର୍ଯ୍ୟରେ ଅତିଥିମାନେ ନିଜ ଥାଳିରେ ଖାଦ୍ୟ ନଷ୍ଟ କରୁଛନ୍ତି। ଭୋଜି ଭାତରେ ଖାଦ୍ୟ ନଷ୍ଟ ନ କରିବା ପାଇଁ ସଂଘ ପକ୍ଷରୁ ଏକ ସଚେତନତା ଅଭିଯାନ ଆରମ୍ଭ କରାଯିବ ବୋଲି କହିଥିଲେ। ସେହିପରି ସାଧାରଣ ସମ୍ପାଦକ ଦେବୀ ପ୍ରସାଦ ରଥ ବିଭିନ୍ନ ସାମାଜିକ ଅନୁଷ୍ଠାନରେ ଓଡିଶାର ଖାଦ୍ୟର ପ୍ରଚାର ପ୍ରସାର କରାଯିବ ବୋଲି କହିଛନ୍ତି।

# ୨ ଭାଇଙ୍କୁ ରାସ୍ତାରେ ମରଣାନ୍ତକ ଆକ୍ରମଣ

ଭୁବନେଶ୍ୱର,୨।୪
(ସୂର୍ଯ୍ୟକାନ୍ତ ବେହେରା)

ଦହିବରା ଖାଇବାକୁ ଯାଇଥିବାବେଳେ ଦୁଇ ଭାଇଙ୍କୁ ଗୋଡ଼ାଇ ଗୋଡ଼ାଇ ଧାରୁଆ ଅସ୍ତ୍ରରେ ମରଣାନ୍ତକ ଆକ୍ରମଣ କରାଯାଇଛି। ଖଣ୍ଡଗିରି ଥାନା ଅଧୀନ ପାତ୍ରପଡ଼ାରେ ଏହି ଘଟଣା ବୁଧବାର ଘଟିଥିବାବେଳେ ଆକ୍ରମଣରେ ଦୁଇ ଭାଇ ଆଲୋକ ସାମନ୍ତରାୟ ଓ ଦିବ୍ୟଜ୍ୟୋତି ସାମନ୍ତରାୟ ଗୁରୁତର ଆହତ ହୋଇଛନ୍ତି। ଆକ୍ରମଣ ପଛର ପ୍ରକୃତ କାରଣ ଜଣାପଡ଼ି ନ ଥିବାବେଳେ ପୂର୍ବ ବିବାଦକୁ ନେଇ କେତେଜଣ ଯୁବକ ଏହି କାଣ୍ଡ ଭିଆଇଥିବା ପୋଲିସ ସନ୍ଦେହ କରୁଛି। ଏନେଇ ଜୀବନଜ୍ୟୋତି ସାମନ୍ତରାୟ ତାଙ୍କ ପୁଅ ଆଲୋକ ଓ ପୁତୁରାଙ୍କୁ ରାସ୍ତାରେ ବିଜୟ ପାଇଶାଣୀ, ଲକି ଜେନା, ରଞ୍ଜିତ ଦାସ ଓ ସହଯୋଗୀମାନେ ଧାରୁଆ ଅସ୍ତ୍ରରେ ଆକ୍ରମଣ କରିଥିବା ନେଇ ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗ ଆଧାରରେ ପୋଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି।

ସୂଚନା ଅନୁସାରେ, ଗତ ହୋଲି ଦିନ ରଙ୍ଗ ଖେଳ ବେଳେ କମେଣ୍ଟ ମରାକୁ ନେଇ ଆଲୋକଙ୍କ ଗୋଷ୍ଠୀ ବିଜୟ ପାଇଶାଣୀଙ୍କ ସହଯୋଗୀଙ୍କ ମଧ୍ୟରେ ଗଣ୍ଡଗୋଳ ହୋଇଥିଲା। ଖଣ୍ଡଗିରି ଥାନାରେ ଉଭୟ ପକ୍ଷରୁ ଅଭିଯୋଗ ହୋଇଥିଲା। ମାମଲା ଥାନାରେ ଏକ ପ୍ରକାର ସମାଧାନ ହୋଇଥିଲା। ମାତ୍ର ମାଡ଼ ଖାଇଥିବା ଗୋଷ୍ଠୀ ଏଥିରେ ସନ୍ତୁଷ୍ଟ ହୋଇ ନ ଥିଲେ। ସେମାନେ ପ୍ରତିଶୋଧ ନେବାକୁ ସୁଯୋଗ ଖୋଜୁଥିବା ବେଳେ ବୁଧବାର ଆଲୋକ ଓ ଦିବ୍ୟଜ୍ୟୋତିଙ୍କୁ ମାରଣାସ୍ତ୍ରରେ ଆକ୍ରମଣ କରିଥିଲେ।

# ୧୩ ଦଫା ଦାବିନେଇ ରାଜ୍ୟ ଅସଂଗଠିତ ଶ୍ରମିକ ସଂଘର ଧାରଣା




ଓଡ଼ିଶା ରାଜ୍ୟ ଅସଂଗଠିତ ଶ୍ରମିକ ସଂଘ ସମନ୍ୱୟ କମିଟିର କର୍ମକର୍ତ୍ତାମାନେ ଧାରଣାରେ ବସିଛନ୍ତି।

ଭୁବନେଶ୍ୱର,୨।୪
(ସୁଚିସ୍ମିତା ସାହୁ)

ଓଡ଼ିଶା ରାଜ୍ୟ ଅସଂଗଠିତ ଶ୍ରମିକ ସଂଘ ସମନ୍ୱୟ କମିଟି ପକ୍ଷରୁ ଶ୍ରମିକଙ୍କ ସମସ୍ୟା ସମ୍ୱଳିତ ୧୩ ଦଫା ଦାବି ନେଇ ବୁଧବାର ବିଧାନସଭା ସମ୍ମୁଖରେ ଗଣଧାରଣା ଅନୁଷ୍ଠିତ ହୋଇଯାଇଛି। ତିନିବର୍ଷରୁ ଅଧିକ ସମୟ ଧରି ଗୋଟିଏ ସ୍ଥାନରେ ରହିଥିବା ଶ୍ରମ ଅଧିକାରୀଙ୍କ ବଦଳି, ଅସଂଗଠିତ ଶ୍ରମିକ କଲ୍ୟାଣ ବୋର୍ଡକୁ କାର୍ଯ୍ୟକାରୀ କରିବା, ନିର୍ମାଣ ଶ୍ରମିକ ସହାୟତା ପ୍ରଦାନର ସମୟସୀମା ନିର୍ଦ୍ଧାରଣ କରିବା, ରାଜ୍ୟର ସମସ୍ତ ଅସଂଗଠିତ ଶ୍ରମିକ କାର୍ଡ଼ ନବୀକରଣ ଆଦି ଦାବି ନେଇ ଏକ ଦାବିପତ୍ର ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ ମାଧ୍ୟମରେ ଶ୍ରମମନ୍ତ୍ରୀଙ୍କୁ ପ୍ରଦାନ କରାଯାଇଛି ବୋଲି କମିଟି ସଭାପତି ନୃସିଂହ ଚରଣ ମିଶ୍ର କହିଛନ୍ତି। ଏହି ଅବସରରେ ସାଧାରଣ ସମ୍ପାଦକ ଦୀନବନ୍ଧୁ ସାହୁ, ସଂଗଠନ ସମ୍ପାଦକ ନାରାୟଣ ପ୍ରଧାନ, ସହସମ୍ପାଦକ ରମେଶ ଜେନା, ଧୀରେନ ନାୟକଙ୍କ ନେତୃତ୍ୱରେ ଯାଜପୁର, ଭଦ୍ରକ, ବାଲେଶ୍ୱର, କେନ୍ଦୁଝର, ଢେଙ୍କାନାଳ, କଟକ, ଖୋର୍ଦ୍ଧା, ନୟାଗଡ଼, ଗଞ୍ଜାମ, ଛତ୍ରପୁର, ପୁରୀ, ଗଜପତି ଆଦି ୧୫ଟି ଶ୍ରମ ଜିଲାରୁ ସଂଘର ପ୍ରତିନିଧିମାନେ ଯୋଗଦେଇ ଶ୍ରମିକଙ୍କ ସମସ୍ୟା ସମ୍ପର୍କରେ ଆଲୋଚନା କରିଥିଲେ।

# ମୋବାଇଲ ଚୋରି, ଅଭିଯୁକ୍ତ ଗିରଫ

ଭୁବନେଶ୍ୱର,୨।୪
(ସୂର୍ଯ୍ୟକାନ୍ତ ବେହେରା)

ଏୟାରପୋର୍ଟ ଥାନା ଅନ୍ତର୍ଗତ ଲିଙ୍ଗରାଜ ବିହାର ଅଞ୍ଚଳର ଏକ ଘରୁ ମୋବାଇଲ ଚୋରି କରି ଫେରାର ହେଉଥିବା ବେଳେ ସ୍ଥାନୀୟ ଲୋକେ ସମ୍ପୃକ୍ତ ଚୋରଙ୍କୁ ଧରି ପୋଲିସ ଜିମା ଦେଇଛନ୍ତି। ଏନେଇ ଏକ ମାମଲା ରୁଜୁ କରି ପୋଲିସ ତାଙ୍କୁ ଗିରଫ କରିଛି। ଅଭିଯୁକ୍ତ ହେଲେ ଗଞ୍ଜାମ ପୋଲସରା ଥାନା ଅଞ୍ଚଳର ମୁକେଶ ମିଶ୍ର। ତାଙ୍କଠାରୁ ୨ଟି ଚୋରା ମୋବାଇଲ ଜବତ କରାଯାଇଛି। ଅଭିଯୁକ୍ତ ମୁକେଶ ଚୋରି ପରେ ସାମଗ୍ରୀଗୁଡ଼ିକୁ ଅତି କମ୍ ଟଙ୍କାରେ ବିକ୍ରି କରନ୍ତି। ତେବେ ପୂର୍ବରୁ ସେ ଆଉ କ'ଣ ସବୁ ଚୋରି କରିଛନ୍ତି ସେନେଇ ପୋଲିସ ତଦନ୍ତ ଚଳାଇଛି।

# ବିଏମ୍‌ସି ୩୬ ନମ୍ବର ୱାର୍ଡ ଅଫିସ୍ ଉଦ୍‌ଘାଟିତ



ବିଧାୟକ ଓ ମେୟର ୱାର୍ଡ ଅଫିସ ଉଦ୍‌ଘାଟନ କରୁଛନ୍ତି।

ଭୁବନେଶ୍ୱର,୨।୪(ବନ୍ଦନା ସେଠୀ)

ଭୁବନେଶ୍ୱର ମହାନଗର ନିଗମ (ବିଏମ୍‌ସି)ର ୱାର୍ଡ ନମ୍ବର ୩୬ର ନବନିର୍ମିତ ୱାର୍ଡ ଅଫିସ୍ ୟୁନିଟ୍-୪ସ୍ଥିତ ସରକାରୀ ବାସଭବନ ଅଞ୍ଚଳରେ ଖୋଲିଛି। ମୁଖ୍ୟ ଅତିଥି ଭାବେ ଭୁବନେଶ୍ୱର ମଧ୍ୟ ବିଧାୟକ ଅନନ୍ତ ନାରାୟଣ ଜେନା ଓ ସମ୍ମାନିତ ଅତିଥି ଭାବେ ମେୟର ସୁଲୋଚନା ଦାସ ଯୋଗଦେଇ ଏହାକୁ ଉଦ୍‌ଘାଟନ କରିଥିଲେ। କାର୍ଯ୍ୟକ୍ରମରେ ସ୍ଥାନୀୟ କର୍ପୋରେଟର ଅଲ୍ଲିଅଳୀ ମଲ୍ଲିକଙ୍କ ସମେତ ବହୁ କର୍ପୋରେଟର, ୱାର୍ଡ ବାସିନ୍ଦା ଓ ଅନ୍ୟମାନେ ଉପସ୍ଥିତ ଥିଲେ।

# ଓଡ଼ିଶା ଜୀବିକା ମିଶନ ଇସିଙ୍କ ପୁନର୍ଗଠନ ନାମରେ ଉଚ୍ଛେଦକୁ ବିରୋଧ

ତ୍ରିଶୂଳିଆ,୨।୪
(ତୁଷାରକାନ୍ତ ବେହେରା)

ଓଡ଼ିଶା ଜୀବିକା ମିଶନ ଇସି ସଂଘର ବ୍ଲକସ୍ତରୀୟ ବୈଠକ ବାରଙ୍ଗ ବ୍ଲକରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ରାଜ୍ୟ ସରକାର ଓଡ଼ିଶା ଜୀବିକା ମିଶନ ଇସିଙ୍କ ପୁନଃଗଠନ ନାମରେ ଉଚ୍ଛେଦକୁ ସଂଘ ପକ୍ଷରୁ ବିରୋଧ କରାଯାଇଥିଲା। ଗତ ମାର୍ଚ୍ଚ ୨୭ ତାରିଖରେ ପ୍ରକାଶିତ ନିର୍ଦ୍ଦେଶନାମାକୁ ସ୍ଥଗିତ ରଖିବାକୁ ବିଡିଓଙ୍କୁ ଅନୁରୋଧ କରାଯାଇଥିଲା। ବିଡିଓଙ୍କ ମାଧ୍ୟମରେ ସରକାରଙ୍କୁ ନିବେଦନ କରାଯାଇଥିଲା। ଇସି ମହିଳାମାନେ ସ୍ଫୁଟି ଋଣ ଚାପରୁ ମୁକ୍ତ ନ ହେବା ପର୍ଯ୍ୟନ୍ତ ସରକାର ନୂତନ ନିର୍ଦ୍ଦେଶନାମାର ୩ ବର୍ଷ ପର୍ଯ୍ୟନ୍ତ କାର୍ଯ୍ୟ କରିବାର ସୁଯୋଗ ଦେବାକୁ ସଂଘ ସଭାପତି ସୁମିନା ପ୍ରଧାନ, ସମ୍ପାଦିକା ରଶ୍ମିରେଖା ପାତ୍ର, ଜିଲା ସଭାପତି ରୋଜାଲିନ ମହାନ୍ତି, ବିଜୟଲକ୍ଷ୍ମୀ ସିଠ, ଶକୁନ୍ତଳା ସେଠୀ, ବୁଲି ଭୋଇ, ରଜନୀ ସାହୁ ପ୍ରମୁଖ ଇସି ମେମ୍ବରମାନେ ନିବେଦନ କରିଥିଲେ।

# କିଟ୍ ଛାତ୍ରଙ୍କ ସନ୍ଦେହଜନକ ମୃତ୍ୟୁ ଘଟଣା

## ବ୍ୟବଚ୍ଛେଦ ସରିଲା, ଘଟଣାସ୍ଥଳରୁ ମିଳିଲା ମୋବାଇଲ

## ଏନ୍‌ଏଚ୍‌ଆର୍‌ସିଙ୍କ ନିକଟରେ ପିଟିଶନ

ଭୁବନେଶ୍ୱର,୨।୪
(ସତ୍ୟଜିତ୍ ରାଉତ)

କିଟ୍ ବିଶ୍ୱବିଦ୍ୟାଳୟରେ ପଢୁଥିବା ବିଟେକ୍ ଛାତ୍ର ଅର୍ଣ୍ଣବ ମୁଖାର୍ଜୀ(୨୧)ଙ୍କ ସନ୍ଦେହଜନକ ମୃତ୍ୟୁ ଘଟଣାରେ ପୋଲିସ ତଦନ୍ତ ଜାରି ରଖିଛି। ବୁଧବାର କ୍ୟାପିଟାଲ ହସ୍ପିଟାଲରେ ପରିବାର ଲୋକଙ୍କ ଉପସ୍ଥିତିରେ ଅର୍ଣ୍ଣବଙ୍କ ମୃତଦେହ ବ୍ୟବଚ୍ଛେଦ କରାଯାଇଛି। ପରେ ପରିବାର ଲୋକଙ୍କୁ ମୃତଦେହ ହସ୍ତାନ୍ତର କରାଯାଇଥିଲା। ଅପରପକ୍ଷରେ ଖୋଜାଖୋଜି ପରେ ମୃତଦେହ ଠାବ ହୋଇଥିବା ସ୍ଥାନ ନିକଟରୁ ଅର୍ଣ୍ଣବଙ୍କ ମୋବାଇଲ ମିଳିଛି। ଅର୍ଣ୍ଣବଙ୍କ ବାପା ଜଗଦୀଶ ମୁଖାର୍ଜୀ ଗଣମାଧ୍ୟମରେ ପ୍ରତିକ୍ରିୟା ଦେଇ ଘଟଣା ପଛର ସତ୍ୟତା ପଦାକୁ ଆସିବା ଦରକାର ବୋଲି କହିଛନ୍ତି। ସେ କହିଛନ୍ତି, ପୁଅ ଆତ୍ମହତ୍ୟା କରିଥିବ ବୋଲି ଲାଗୁନାହିଁ। ସୋମବାର ଅପରାହ୍ନ



ପ୍ରାୟ ୩ଟା ୨୧ରେ ଅର୍ଣ୍ଣବ ତାଙ୍କ ମା'ଙ୍କୁ କଲ୍ କରି ୨୦୦ ଟଙ୍କା ମାଗି ନେଇଥିଲେ। ୩ଟା ୪୦ ବେଳେ ଅର୍ଣ୍ଣବଙ୍କ ମୋବାଇଲ ସୁଇଚ୍ ଅଫ୍ ହୋଇଯାଇଥିଲା। ଆତ୍ମହତ୍ୟା ଯଦି କରିବ ଟଙ୍କା କାହିଁକି ମାଗିବ ବୋଲି ସେ ପ୍ରଶ୍ନ କରିଛନ୍ତି। ତେବେ ରାତି ୯ଟା ବେଳେ ଅର୍ଣ୍ଣବ ହଷ୍ଟେଲକୁ ନ ଫେରିବାରୁ ଆମକୁ ଜଣାଇବାର ଆବଶ୍ୟକତା ଥିଲା ବୋଲି ସେ କହିଛନ୍ତି। ଅନ୍ୟପକ୍ଷରେ ଏହି ଘଟଣାରେ ଜୋନ-୫ ଏସିପି ବିଶ୍ୱରଞ୍ଜନ ସେନାପତି ଖବରଦାତା ସମ୍ମିଳନୀରେ କହିଛନ୍ତି, ଏଯାଏ ହୋଇଥିବା ତଦନ୍ତରୁ ଅର୍ଣ୍ଣବ ଆତ୍ମହତ୍ୟା କରିଥାଇପାରନ୍ତି ବୋଲି ଜଣାପଡ଼ିଛି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ଘଟଣା ପଛର ପ୍ରକୃତ ସତ୍ୟ ଜଣାପଡ଼ିବ। କଲେଜରୁ କିଟ୍ ଛକ ଯାଏ ଅର୍ଣ୍ଣବ ଏକୁଟିଆ ଆସିଥିବା ସିସିଟିଭି ଫୁଟେଜ୍‌ରୁ ଜଣାପଡିଛି। ଏହାପରେ ସେ କେମିତି ଓ କାହା ସହ ଆସିଛନ୍ତି ତାହା ଜଣାପଡ଼ିନାହିଁ। ଅର୍ଣ୍ଣବଙ୍କ ମୋବାଇଲକୁ ଏସ୍‌ଏଫ୍‌ଏସ୍‌ଏଲକୁ ପଠାଯାଇଥିବା ବେଳେ ବିଭିନ୍ନ ଦିଗକୁ ନେଇ ତଦନ୍ତ ଜାରି ରହିଛି। ସେପଟେ ଏହି ଘଟଣା ଜାତୀୟ ମାନବାଧିକାର କମିଶନ (ଏନ୍‌ଏଚ୍‌ଆର୍‌ସି)ଙ୍କ ନିକଟରେ ପହଞ୍ଚିଛି। କମିଶନଙ୍କ ଟିମ ଏହି ଘଟଣାରେ ତଦନ୍ତ କରିବା ସହ ଦୋଷୀଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ନେବାଲାଗି ନ୍ୟାୟ ପାଇଁ ଲଢ଼େଇ ପରିବାରର ରାଜ୍ୟ ସଭାପତି ସୁବ୍ରତ ଦାଶ କମିଶନଙ୍କ ନିକଟରେ ପିଟିଶନ୍ ଦାଖଲ କରିଛନ୍ତି। ଛାତ୍ରଙ୍କ ପରିବାରକୁ ୫୦ ଲକ୍ଷ ଟଙ୍କାର କ୍ଷତିପୂରଣ ରାଶି ଯୋଗାଇ ଦେବାକୁ ସେ ପିଟିଶନ୍‌ରେ ପ୍ରାର୍ଥନା କରିଛନ୍ତି। ଏଥିରେ ଭୁବନେଶ୍ୱର ଡିସିପି, ପୋଲିସ ଡିଜି, ଗୃହ ସଚିବ ଏବଂ କିଟ କଲେଜ କର୍ତ୍ତୃପକ୍ଷଙ୍କୁ ପକ୍ଷଭୁକ୍ତ କରାଯାଇଛି। ସୂଚନାଯୋଗ୍ୟ, ଭୁବନେଶ୍ୱର ରସୁଲଗଡ଼ ଦୁର୍ଗାପୂଜା ମଣ୍ଡପ ନିକଟ ୧୬ ନଂ. ଜାତୀୟ ରାଜପଥ ପାର୍ଶ୍ୱରେ ଥିବା ଏକ ନିର୍ମାଣାଧୀନ କୋଠା ତଳୁ ସୋମବାର ସନ୍ଧ୍ୟାରେ କ୍ଷତାକ୍ତ ଅବସ୍ଥାରେ ଅର୍ଣ୍ଣବଙ୍କ ମୃତଦେହକୁ ଠାବ କରାଯାଇଥିଲା।

କାନାରା ବ୍ୟାଙ୍କ Canara Bank
ସିଣ୍ଡିକେଟ Syndicate
କ୍ଷେତ୍ରୀୟ କାର୍ଯ୍ୟାଳୟ: କଟକ
ସଂଶୋଧନ ପତ୍ର
ତା.୩୦.୦୩.୨୦୨୫ରିଖ ଦୈନିକ ଖବର କାଗଜ ଧରିତ୍ରୀରେ ପ୍ରକାଶିତ ଆମ୍ଭର "ଡିମାଣ୍ଡ ନୋଟିସ୍"ରେ ଋଣଗ୍ରହୀତା: ମେସର୍ସ ଖୁସି ଏଣ୍ଟରପ୍ରାଇଜେସ୍‌ର ଆକାଉଣ୍ଟ ନିମନ୍ତେ ଦର୍ଶିତ ଶାଖାର ନାମ "ପଟ୍ଟାମୁଣ୍ଡାଇ ଶାଖା" ପରିବର୍ତ୍ତେ "ରାହାମା ଶାଖା" ପଢ଼ିବାକୁ ଅନୁରୋଧ। ଅନ୍ୟାନ୍ୟ ସମସ୍ତ ତଥ୍ୟ ଅପରିବର୍ତ୍ତିତ ରହିବ।
ତା.୦୨.୦୪.୨୦୨୫ / କ୍ଷମତାପ୍ରାପ୍ତ ଅଧିକାରୀ

No.A-1250
GOVERNMENT OF ODISHA
DEPARTMENT OF WATER RESOURCES
OFFICE OF THE ADDITIONAL CHIEF ENGINEER
CENTRAL IRRIGATION CIRCLE, BHUBANESWAR
'e' Procurement Notice No. ACECIC - 19/2024-25

| Procurement Officer | Bid Identification No. | Name of Work | Cost of Work (Rs. in Lakhs) | Bid Security (Rs.) E.M.D. | Cost of Bid documents (Rs.) | Class of Contractor | Bid documents available online for bidding | | Date of opening of Technical Bid | Period of completion of work |
|---|---|---|---|---|---|---|---|---|---|---|
| | | | | | | | From | To | | |
| ACE, CIC, BHUBANESWAR | NGR-09/2024-25 | Cement Concrete Lining in Right Distributary of Kuanria Irrigation Project from RD.11.00 Km to 18.20 Km | 834.63 | 834700/- (Online) | 10000/- (Online) | "A" & "Special" Class | 05.04.2025 At 10.00 Hours | 19.04.2025 At 17.00 Hours | 21.04.2025 At 11.00 Hours | 18 (Eighteen Calendar Month) |

e-mail ID : secic_dowr@yahoo.com
Further details conditions can be seen from Govt. website www.tenderorissa.gov.in
Sd./- Additional Chief Engineer, Central Irrigation Circle
OIPR-32160/11/0023/2425

ୟୁକୋ ବ୍ୟାଙ୍କ
ଆଞ୍ଚଳିକ କାର୍ଯ୍ୟାଳୟ, ୟୁକୋ ବ୍ୟାଙ୍କ ବିଲ୍ଡିଙ୍ଗ, ୨ୟ ମହଲା, ସି-୨, ଅଶୋକ ନଗର, ଭୁବନେଶ୍ୱର-୭୫୧୦୦୯, ଫୋନ୍: ୦୬୭୪-୨୬୨୦୪୨୩
ଦଖଲ ନୋଟିସ୍
ସ୍ଥାବର ସମ୍ପତ୍ତି ନିମନ୍ତେ

(ସିକ୍ୟୁରିଟାଇଜେସନ୍ ଆଣ୍ଡ୍ ରିକନ୍‌ଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ୍ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ର ଧାରା ୧୩ (୪) ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ)ରୁଲ୍ସ ୨୦୦୨ର ରୁଲ୍ ୮ ଅନୁଯାୟୀ ସ୍ଥାବର ସମ୍ପତ୍ତି ନିମନ୍ତେ)

ନିମ୍ନ ସ୍ୱାକ୍ଷରକାରୀ **ୟୁକୋ ବ୍ୟାଙ୍କ, ଦଳାଇସାହି ଶାଖାର** କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସିକ୍ୟୁରିଟାଇଜେସନ୍ ଆଣ୍ଡ୍ ରିକନ୍‌ଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ୍ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ (୨୦୦୨ର ନଂ.୫୪) ଏବଂ ଧାରା ୧୩ (୧୨) ଅନୁଯାୟୀ ପ୍ରଦତ୍ତ କ୍ଷମତା ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୩ ଅନୁସାରେ ନିମ୍ନଲିଖିତ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତାଙ୍କୁ କଥିତ ଆକ୍ଟର ଧାରା ୧୩(୨) ଅନୁସାରେ ଡିମାଣ୍ଡ ନୋଟିସ୍ ଜାରି କରାଯାଇ ନୋଟିସ୍ ମାଧ୍ୟମରେ ଦର୍ଶାଯାଇଥିବା ଅର୍ଥ ସହିତ ଚୁକ୍ତି ହାରରେ ସୁଧ ସହିତ ଆନୁସଙ୍ଗିକ ଖର୍ଚ୍ଚ ଏବଂ ଆଇନଗତ ଖର୍ଚ୍ଚ ନୋଟିସ୍ ପ୍ରାପ୍ତି ତାରିଖଠାରୁ **୬୦ ଦିନ** ମଧ୍ୟରେ ପଇଠ କରିବାକୁ କୁହାଯାଇଥିଲା। ଯେହେତୁ ଋଣଗ୍ରହୀତା ତାଙ୍କର ଦେୟ ପଇଠ କରିବାରେ ବିଫଳ ହେଲେ ତେଣୁ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା ଏବଂ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଅଛି କି ଉପର ବର୍ଣ୍ଣିତ ଆଇନର ଧାରା ୧୩(୪) ସହିତ କଥିତ ରୁଲ୍ସର ରୁଲ୍ ୮ ଅନୁସାରେ କ୍ଷମତାପ୍ରାପ୍ତ ଅଧିକାରୀ ନିମ୍ନରେ ବର୍ଣ୍ଣିତ ସମ୍ପତ୍ତିକୁ **ଦଖଲ** ନେଇଛନ୍ତି। ତେଣୁ ବିଶେଷକରି ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା ଏବଂ ସର୍ବସାଧାରଣଙ୍କୁ ଏତଦ୍‌ଦ୍ୱାରା ଜଣାଇ ଦିଆଯାଉଛି ଯେ, ନିମ୍ନଲିଖିତ ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିବେ ନାହିଁ ଅନ୍ୟଥା ସମ୍ପତ୍ତି ଉପରେ କୌଣସି ପ୍ରକାର କାରବାର ପାଇଁ **ୟୁକୋ ବ୍ୟାଙ୍କ, ଦଳାଇସାହି ଶାଖା** ନିକଟରେ ସମସ୍ତ ଦେୟ ସହିତ ସେବାବଦ ସୁଧ, ଆନୁସଙ୍ଗିକ ଖର୍ଚ୍ଚ ଏବଂ ଦେୟ ପାଇଁ ଉତ୍ତରଦାୟୀ ରହିବେ।

| ଦଳାଇସାହି ଶାଖା / ଋଣଗ୍ରହୀତା/ ଗ୍ୟାରେଣ୍ଟିଦାତାଙ୍କ ନାମ ଓ ଠିକଣା | ଧାର୍ଯ୍ୟ ତାରିଖ ସୁଦ୍ଧା ବକେୟା ରାଶିର ପରିମାଣ | ଡିମାଣ୍ଡ ନୋଟିସ୍ / ଦଖଲ ନୋଟିସ୍ ତାରିଖ | ସ୍ଥାବର ସମ୍ପତ୍ତିର ବିବରଣୀ |
|---|---|---|---|
| ଋଣଗ୍ରହୀତା: ଶେଖ ଅତାବୁର ରହେମାନ / ଗ୍ୟାରେଣ୍ଟିଦାତା: ରୋକିଆ ବେଗମ, ଉଭୟଙ୍କ ଠିକଣା- ସା: ଦଳାଇସାହି, ପୋ: ମାଣିକଗୋଡା, ଜିଲ୍ଲା: ଖୋର୍ଦ୍ଧା-୭୫୨୦୬୬ | ଟ.୧୨,୨୦,୫୨୪.୪୩ + ସେବାବଦ ପରବର୍ତ୍ତୀ ସୁଧ ଏବଂ ଅନ୍ୟାନ୍ୟ ଦେୟ | ୧୯.୧୨.୨୦୨୪ / ୨୮.୦୩.୨୦୨୫ | ଶେଖ ଅତାବୁର ରହେମାନଙ୍କ ନାମରେ ଥିବା ଜମି ଏବଂ ଗୃହର ସମସ୍ତ ଅଂଶବିଶେଷ ଯାହାର ସା/ମୌଜା: ଦଳାଇସାହି, ପୋ: ମାଣିକଗୋଡା, ଥାନା: ବୋଲଗଡ, ଜିଲ୍ଲା: ଖୋର୍ଦ୍ଧା-୭୫୨୦୬୬, ପ୍ଲଟ୍ ନଂ.: ୪୩୮/୨୫୯୨, ୪୩୭/୨୫୯୦, ୪୩୬/୨୫୯୧, ଖାତା ନଂ.: ୧୩୮୦/୨୧୫, |

କ୍ଷେତ୍ର: ୧୭୮୫.୯୬ ବର୍ଗଫୁଟ (ପ୍ଲିନ୍ଥ ଏରିଆ: ୧୨୭୦ ବର୍ଗଫୁଟ), ଏହାର ଚାରିପାର୍ଶ୍ୱରେ ଉତ୍ତର: ଲିଟିଫୁଲ ରହେମାନ, ଦକ୍ଷିଣ: ମୋଜବୁର ରହେମାନ, ପୂର୍ବ: ରାସ୍ତା, ପଶ୍ଚିମ: କମର ଜାନ ଖାନ୍
ସ୍ଥାନ: ଭୁବନେଶ୍ୱର, ତାରିଖ : ୦୨.୦୪.୨୦୨୫ — କ୍ଷମତାପ୍ରାପ୍ତ ଅଧିକାରୀ, ୟୁକୋ ବ୍ୟାଙ୍କ

# ପିଲାଙ୍କୁ ଆକର୍ଷିତ କରିବ ଖଡ଼ିଛୁଆଁ ଉତ୍ସବ



ଖାନ୍‌ନଗର ହାଇସ୍କୁଲ ପରିସରରେ ଶିକ୍ଷା ସଚେତନତା ରଥ ଶୁଭାରମ୍ଭ କାର୍ଯ୍ୟକ୍ରମରେ ବିଧାୟକ, ମେୟରଙ୍କ ସମେତ ଅନ୍ୟମାନେ।



ତୁଳସୀପୁର ସ୍କୁଲରେ ଜିଲାପାଳ ଜଣେ ଶିଶୁଙ୍କୁ ଖଡ଼ି ଛୁଆଁଉଛନ୍ତି।

**କଟକ,୨।୪(କାର୍ତ୍ତିକ ସାହୁ)**

ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଆନୁକୂଲ୍ୟରେ କଟକ ଜିଲାର ବିଭିନ୍ନ ବିଦ୍ୟାଳୟରେ ପ୍ରବେଶ ଉତ୍ସବ, ଖଡିଛୁଆଁ କାର୍ଯ୍ୟକ୍ରମ ଓ ଶିଶୁ ବାଟିକା ବୁଧବାର ଶୁଭାରମ୍ଭ ହୋଇଯାଇଛି। ସମଗ୍ର ଶିକ୍ଷାର ଜିଲା ପ୍ରକଳ୍ପ କାର୍ଯ୍ୟାଳୟ ପକ୍ଷରୁ କଟକ ଖାନ୍‌ନଗର ସରକାରୀ ହାଇସ୍କୁଲ ପରିସରରେ ଜିଲାସ୍ତରୀୟ ପ୍ରବେଶ ଉତ୍ସବ, ଖଡ଼ିଛୁଆଁ ଓ ଶିଶୁ ବାଟିକାର ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ଅତିଥି ଭାବେ ସିଏମ୍‌ସି ମେୟର ସୁବାସ ସିଂ ଯୋଗଦେଇ ଓଡ଼ିଆ ସଂସ୍କୃତି ପରମ୍ପରା ଏବଂ ଅସ୍ମିତା ସମସ୍ତଙ୍କ ପାଇଁ ପ୍ରେରଣାର ଉତ୍ସ ହେବ ବୋଲି କହିଥିଲେ। ଅନ୍ୟତମ ଅତିଥି କଟକ ସଦର ବିଧାୟକ ପ୍ରକାଶ ଚନ୍ଦ୍ର ସେଠୀ ଖଡ଼ିଛୁଆଁ ଉତ୍ସବ ଅନେକ ପିଲାଙ୍କୁ ବିଦ୍ୟାଳୟକୁ ଆସିବା ପାଇଁ ଆକର୍ଷିତ କରିବ ବୋଲି କହିଥିଲେ। ଜିଲା ଶିକ୍ଷାଧିକାରୀ ଡ. ସନ୍ତୋଷ କୁମାର ରାଉତ ସ୍ୱାଗତ ଭାଷଣ ଦେଇ ଓଡ଼ିଆ ଅସ୍ମିତା ଏବଂ ଓଡ଼ିଆଙ୍କର ସ୍ୱାଭିମାନ, ସଂସ୍କୃତି ପରମ୍ପରାକୁ ବଜାୟ ରଖିବା ପାଇଁ ଏପ୍ରିଲ ପହିଲାରୁ ଓଡ଼ିଆ ପକ୍ଷ ଆରମ୍ଭ ହୋଇଥିବା କହିଥିଲେ।

**ଜିଲାସ୍ତରୀୟ ଖଡ଼ିଛୁଆଁ ଓ ପ୍ରବେଶ ଉତ୍ସବ**

ଅତିରିକ୍ତ ଜିଲା ଶିକ୍ଷା ଅଧିକାରୀ ଅଭିଜିତା ଭାସ୍କର, ବ୍ଲକ ଶିକ୍ଷା ଅଧିକାରୀ ପ୍ରିୟଙ୍କା ବେହେରା ପ୍ରମୁଖ ଓଡ଼ିଆ ପକ୍ଷର ଉଦ୍ଦେଶ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ଅତିଥିମାନେ ଛାତ୍ରୀଛାତ୍ରଙ୍କୁ ଖଡ଼ି ଛୁଆଁଇବା ସହ ସ୍ଲେଟ୍, ବହି ଓ ବ୍ୟାଗ୍ ବଣ୍ଟନ କରିଥିଲେ। ଏହି ଅବସରରେ ମେୟର ସିଂ ଓ ବିଧାୟକ ସେଠୀ ଶିକ୍ଷା ସଚେତନତା ରଥର ଶୁଭାରମ୍ଭ କରିଥିଲେ। ବିଦ୍ୟାଳୟର ପ୍ରଧାନ ଶିକ୍ଷକ ପ୍ରମଥ ନାଥ ଦେ, ଅନୁସୂଚିତ ଜାତି ଓ ଜନଜାତି ଶିକ୍ଷା ସଂଯୋଜିକା ଡ. ଶୁଚିସ୍ମିତା ମହାନ୍ତି କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ସେହିପରି କଟକ ତୁଳସୀପୁର ହାଇସ୍କୁଲରେ ପ୍ରବେଶ ଉତ୍ସବ ଓ ଖଡିଛୁଆଁ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ଜିଲାପାଳ ଦତ୍ତାତ୍ରୟ ଭାଉସାହେବ ସିନ୍ଦେ ଯୋଗଦେଇଥିଲେ। ଏଥିସହ ସେ ଶିଶୁ ବାଟିକା ଓ ଶିକ୍ଷା ସଚେତନତା ରଥର ଶୁଭାରମ୍ଭ କରିଥିଲେ।

# ଶ୍ରୀ ଚତୁର୍ଭୁଜା ମାତାଜୀ ଭକ୍ତ ମଣ୍ଡଳର ଦ୍ୱାଦଶ ବାର୍ଷିକ ଉତ୍ସବ

**କଟକ,୨।୪(କାର୍ତ୍ତିକ ସାହୁ)**



ବାର୍ଷିକ ଉତ୍ସବରେ ଉପସ୍ଥିତ ଶ୍ରଦ୍ଧାଳୁ।

ଶ୍ରୀ ଚତୁର୍ଭୁଜା ମାତାଜୀ ଭକ୍ତ ମଣ୍ଡଳର ଦ୍ୱାଦଶ ବାର୍ଷିକ ଉତ୍ସବ ବାଲୁବଜାରସ୍ଥିତ ଶ୍ରୀ ଶ୍ୟାମବାବା ମନ୍ଦିର ପ୍ରାଙ୍ଗଣରେ ପାଳିତ ହୋଇଯାଇଛି। କୋଲକାତାର ପ୍ରସିଦ୍ଧ କଳାକାର ବାଲକିଶନ ଶର୍ମା ମାତାଜୀଙ୍କ ଉପରେ ଆଧାରିତ ଭଜନ ପରିବେଷଣ କରିଥିଲେ। ସ୍ଥାନୀୟ କଳାକାର ଦୀପକ ବାଜୋରିଆ ଏବଂ ରାହୁଲ ବଜୋରିଆଙ୍କ ଭଜନ ଭକ୍ତିମୟ ପରିବେଶ ସୃଷ୍ଟି କରିଥିଲା। ମୁଖ୍ୟ ଯଜମାନ କମଲେଶ ଗନେରିୱାଲ ସର୍ବପ୍ରଥମେ ମାତାଜୀଙ୍କ ଜ୍ୟୋତିକୁ ନେଇ ଫତେହପୁରରୁ ମାତାଜୀଙ୍କୁ ନିମନ୍ତ୍ରଣ କରିଥିଲେ। ଗଣେଶ ବନ୍ଦନାରୁ ଉତ୍ସବର ଶୁଭାରମ୍ଭ ହୋଇଥଲା। ପରେ ଭକ୍ତମାନେ ମାତାଙ୍କ ଚାଳିଶା ପାଠ କରିଥିଲେ। ମାତାଙ୍କ ପାଖରେ ଛପନ ଭୋଗ ଲଗାଯାଇ ଭକ୍ତଙ୍କୁ ବଣ୍ଟନ କରାଯାଇଥିଲା। ଭକ୍ତ ମଣ୍ଡଳର ସଭାପତି ରାଧେଶ୍ୟାମ ଗନେରିୱାଲ ଓ ସମ୍ପାଦକ ନରେଶ ଗନେରିୱାଲଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ପରିଚାଳିତ ହୋଇଥିଲା। ସଂଯୋଜକ ଅଶୋକ ବାଜୋରିଆ, ଅନିଲ ବାଜୋରିଆ, କୋଷାଧ୍ୟକ୍ଷ ତଥା ମିଡ଼ିଆ ପ୍ରଭାରୀ ସଜ୍ଜନ ବାଜୋରିଆ, ମଣ୍ଡଳ ସଦସ୍ୟ ଅରୁଣ ବାଜୋରିଆ, ରାଜେଶ ବାଜୋରିଆ, ମନୋଜ ବାଜୋରିଆ, ପ୍ରଦୀପ ବାଜୋରିଆ, ବିନୋଦ ପଂସାରି ପ୍ରମୁଖ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।

# ‘ପ୍ରକାଶକ ଭାବେ ଗୋବିନ୍ଦ ଚରଣ ଥିଲେ ଅସାଧାରଣ’

**କଟକ,୨।୪(କାର୍ତ୍ତିକ ସାହୁ)**

**୯୯ତମ ଜୟନ୍ତୀ ସମାରୋହ**

ଓଡ଼ିଶା ବୁକ୍ ଷ୍ଟୋରର ପ୍ରତିଷ୍ଠାତା, ଲେଖକ ଓ ଆଧ୍ୟାତ୍ମିକ ପୁରୁଷ ଗୋବିନ୍ଦ ଚରଣ ପାତ୍ର ଥିଲେ ଜଣେ ଅସାଧାରଣ ବ୍ୟକ୍ତିତ୍ୱ। ରୁଚିପୂର୍ଣ୍ଣ ପୁସ୍ତକ ପ୍ରକାଶନ କରିବା ତଥା ଲେଖିକାଲେଖକଙ୍କ ସହ ଭାବଗତ ସମ୍ପର୍କରେ ଦୃଢ଼ କରୁଥିଲେ ବୋଲି କଟକ ଶ୍ରୀରାମଚନ୍ଦ୍ର ଭବନଠାରେ ବୁଧବାର ଅନୁଷ୍ଠିତ ପ୍ରକାଶକ ଗୋବିନ୍ଦ ଚରଣ ପାତ୍ରଙ୍କ ୯୯ତମ ଜୟନ୍ତୀରେ ବକ୍ତାମାନେ ମତ ପ୍ରକାଶ କରିଛନ୍ତି। ଗୋବିନ୍ଦ ଚରଣ ପାତ୍ର ସ୍ମୃତି ସଂସଦ ପକ୍ଷରୁ ଡ. ଗୋବିନ୍ଦ ଚନ୍ଦ୍ର ଚାନ୍ଦଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଜୟନ୍ତୀ ସମାରୋହରେ ମୁଖ୍ୟ ଅତିଥି ସ୍ତମ୍ଭକାର ସହଦେବ ସାହୁ, ବରେଣ୍ୟ ଅତିଥି ଡ. ପ୍ରମୋଦ କୁମାର ମହାପାତ୍ର ଓ ମୁଖ୍ୟବକ୍ତା ଜୀବନୀକାର ସତ୍ୟନାରାୟଣ ମହାପାତ୍ର ଯୋଗଦେଇ ପାତ୍ରଙ୍କ ଜୀବନର ଅନେକ ଅନାଲୋଚିତ ଅଧ୍ୟାୟ ଉପରେ ଆଲୋକପାତ କରିଥିଲେ। ଆବାହକ ରଘୁନାଥ ମହାପାତ୍ର ପ୍ରାରମ୍ଭିକ ସୂଚନା, ବିଜୟ କୁମାର ନାଥ ଅତିଥି ପରିଚୟ ପ୍ରଦାନ କରିଥିଲେ। ଶିବାଂଶ ଶଙ୍କର ପାତ୍ର ଅତିଥି ଅର୍ଚ୍ଚନା କରିଥିଲେ। ଜ୍ୟେଷ୍ଠପୁତ୍ର ବିଜୟ ଶଙ୍କର ପାତ୍ରଙ୍କ ସମେତ ପରିବାର ସଦସ୍ୟ ଏବଂ ପ୍ରକାଶକ ଜୀବାନନ୍ଦ ମିଶ୍ର, ଶିବାଶିଷ କର, ଉତ୍କଳ ସାହିତ୍ୟ ସମାଜର ସାଧାରଣ ସମ୍ପାଦକ ଆଦିତ୍ୟ ପ୍ରତାପ ଧଳ, ବ୍ରହ୍ମାନନ୍ଦ ବିଶ୍ୱାଳ, ଶଶିକାନ୍ତ ରାଉତ, ରାଧାଶ୍ୟାମ ରାଉଳ ପ୍ରମୁଖ ଯୋଗଦେଇଥିଲେ। ସାଧୁ ଦୀପକ ବାବା ଓ ଅନ୍ୟ ସନ୍ଥମାନେ ଭାଗବତ ପାରାୟଣ କରିଥିଲେ। ବିଶ୍ୱଜ୍ୟୋତି ପାତ୍ର ଧନ୍ୟବାଦ ଦେଇଥିଲେ।

# ପ୍ରତିଯୋଗିତା ମାଧ୍ୟମରେ ଯୁବପିଢ଼ିଙ୍କ ଲୁକ୍କାୟିତ ପ୍ରତିଭା ଜଣାପଡ଼େ




କାର୍ଯ୍ୟକ୍ରମରେ ଏମ୍‌ଜିଏମ୍ ଗ୍ରୁପ୍ ଚେୟାରମ୍ୟାନ୍ ପଙ୍କଜଲୋଚନ ମହାନ୍ତିଙ୍କ ସମେତ ଅନ୍ୟମାନେ।

**କଟକ,୨।୪(ଶିଳ୍ପା ପ୍ରିୟଦର୍ଶିନୀ)**

**ଏମ୍‌ଜିଏମ୍ ଭଏସ୍ ଅଫ୍ ବାରବାଟୀର ତୃତୀୟ ସଂସ୍କରଣ ଉଦ୍‌ଯାପିତ**

କଟକ କ୍ଲବର ୧୬୦ ତମ ପ୍ରତିଷ୍ଠା ଦିବସ ଅବସରରେ ଦୁଇଦିନ ଧରି ଚାଲିଥିବା ଏମ୍‌ଜିଏମ୍ ଭଏସ୍ ଅଫ ବାରବାଟୀର ତୃତୀୟ ସଂସ୍କରଣ ବୁଧବାର ଉଦ୍‌ଯାପିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ଉତ୍କଳ ଚାମ୍ବର ଅଫ୍ କମର୍ସର ସଭାପତି ପ୍ରବୋଧ କୁମାର ମହାନ୍ତି ଏବଂ ଓଡ଼ିଶା କ୍ରିକେଟ୍ ଆସୋସିଏଶନ ସଭାପତି ପଙ୍କଜ ଲୋଚନ ମହାନ୍ତି ଯୋଗଦେଇ ଏଭଳି ପ୍ରତିଯୋଗିତା ଯୁବପିଢିଙ୍କ ଲୁକ୍କାୟିତ ପ୍ରତିଭାକୁ ସାମ୍ନାକୁ ଆଣିବାର ମାଧ୍ୟମ ବୋଲି କହିଛନ୍ତି। ଲେଖକ ସତ୍ୟବ୍ରତ ତ୍ରିପାଠୀ ଓ ନିର୍ଦ୍ଦେଶକ ବସନ୍ତ ସାହୁଙ୍କ ଦ୍ୱାରା ପ୍ରସ୍ତୁତି ଏକ ବୃତ୍ତଚିତ୍ର ପ୍ରଦର୍ଶିତ ହୋଇଥିଲା। ପ୍ରତିଯୋଗିତାରେ ବିଚାରକ ଭାବେ କଣ୍ଠଶିଳ୍ପୀ ତୃପ୍ତି ଦାସ, ସୁବାସ ଦାସ ଓ ଦେବାଶିଷ ମହାପାତ୍ର ଯୋଗଦେଇଥିଲେ। ପ୍ରତିଯୋଗିତାରେ କଟକର ସତ୍ୟବ୍ରତ ମଲ୍ଲିକ ପ୍ରଥମ, ଭୁବନେଶ୍ୱରର ସାଇନା ଦାସ ଓ କଟକର ଋତୁପର୍ଣ୍ଣା ନାୟକ ଦ୍ୱିତୀୟ ଏବଂ କଟକର ଆଶୁତୋଷ ନାୟକ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଏହି ଅବସରରେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ପରେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷିତ ହୋଇଥିଲା। କାର୍ଯ୍ୟକ୍ରମକୁ କ୍ଲବ୍ ସଭାପତି ଡ. ଶ୍ରୀଜୟ ପଟ୍ଟନାୟକ, ସମ୍ପାଦକ ଶୁଭେନ୍ଦୁ ମୋହନ ପଟ୍ଟନାୟକ ଓ ଡ. ଦେବାନନ୍ଦ ମହାପାତ୍ର ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ କ୍ଲବ୍‌ର ଉପସଭାପତି ଦେବେଶ ଦାସ, ସହସମ୍ପାଦକ ଇଂ. ସଞ୍ଜୀବ ସାହୁ, କୋଷାଧ୍ୟକ୍ଷ ଡା. ସୁଦୀପ୍ତ ପୋଦ୍ଦାର, ବିନୟ ସାନ୍ତୁକା, ପ୍ରଦୀପ ପଣ୍ଡା, ପ୍ରବୀଣ ରଥ, ସୋମନାଥ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ।

# ଆତ୍ମରକ୍ଷା ତାଲିମ ଶିବିର ଉଦ୍‌ଯାପିତ

**କଟକ ସଦର,୨।୪(ସୁଶାନ୍ତ କୁମାର ଜେନା)**

କଟକ ସଦର ବ୍ଲକ ଅନ୍ତର୍ଗତ କିଶୋର ନଗର କଲେଜରେ ବାଳିକା ଆତ୍ମରକ୍ଷା ତାଲିମ ଶିବିର ବୁଧବାର ଉଦ୍‌ଯାପିତ ହୋଇଯାଇଛି। କଲେଜର ପ୍ରଶାସନିକ ଅଧିକାରୀ ଅନାଦି ଚରଣ ବରାଳଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଆତ୍ମରକ୍ଷା ପାଇଁ ଛାତ୍ରୀମାନଙ୍କୁ ତାଲିମ ଦିଆଯାଇଥିଲା। ଅଧ୍ୟାପିକା ଚିନ୍ମୟୀ ପ୍ରଧାନ, ପ୍ରିୟଙ୍କା କର, ଖେଳ ଶିକ୍ଷକ ପୂର୍ଣ୍ଣଚନ୍ଦ୍ର ସାହୁ, ମାଷ୍ଟର ଟ୍ରେନର ଭାଗ୍ୟଲକ୍ଷ୍ମୀ ପରିଡ଼ା ଯୁକ୍ତ ୩ ପ୍ରଥମ ବର୍ଷ ଛାତ୍ରୀଙ୍କୁ ଆତ୍ମରକ୍ଷା କୌଶଳ ତାଲିମ ଦେଇଥିଲେ।

# ଖ୍ରୀଷ୍ଟ କଲେଜ ଅଧ୍ୟାପିକାଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

**କଟକ,୨।୪(ଶିଳ୍ପା ପ୍ରିୟଦର୍ଶିନୀ)**

ଖ୍ରୀଷ୍ଟ କଲେଜ ଶିକ୍ଷକ ସଂଘ ପକ୍ଷରୁ ଇତିହାସ ବିଭାଗ ମୁଖ୍ୟ ବରିଷ୍ଠ ଅଧ୍ୟାପିକା ଗାୟତ୍ରୀ ମହାପାତ୍ରଙ୍କୁ ବୁଧବାର ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। କଲେଜ ଅଧ୍ୟକ୍ଷା ମଧୁମିତା ପାତ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିକ୍ଷକ ସଂଘ ସମ୍ପାଦକ ଡ. ଅଶୋକ କୁମାର ସାହୁ ଯୋଗଦେଇ ଅଧ୍ୟାପିକା ଗାୟତ୍ରୀଙ୍କ ଅଧ୍ୟାପନା ଓ ବ୍ୟକ୍ତିତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ପ୍ରାଧ୍ୟାପକ ଡ. ଦୈତ୍ୟାରି ଶୁକ୍ଳ ମାନପତ୍ର ପାଠ କରିଥିଲେ। ଏଥିରେ ଡ. ଦେବଯାନୀ ଦାଶ, ଡ. କ୍ଷଣପ୍ରଭା ନନ୍ଦ, ସୁମନ ରଏ, ଡ. ପ୍ରଶାନ୍ତ କୁମାର ମହାନ୍ତି, ଦେବାଶିଷ ମହାପାତ୍ର, ଶୋଭନ ପଣ୍ଡା, ଡ. ଆଲୋକ ମିଶ୍ର, ନିବେଦିତା ଦାସ ପ୍ରମୁଖ ଉପସ୍ଥିତ ଥିଲେ। ଅଧ୍ୟାପକ ସୁବ୍ରତ ବଳ ଧନ୍ୟବାଦ ଦେଇଥିଲେ।

# ‘ସଚେତନତା ଅଭାବରୁ ଅଟିଜମ୍ ଚିକିତ୍ସା ବିଳମ୍ବିତ’



କାର୍ଯ୍ୟକ୍ରମରେ ଅତିଥିଙ୍କ ଗହଣରେ ଛାତ୍ରୀଛାତ୍ର।

**କଟକ,୨।୪(କାର୍ତ୍ତିକ ସାହୁ)**

**ଡ୍ରିମ୍‌ସରେ ବିଶ୍ୱ ଅଟିଜମ୍ ଦିବସ**

ଡ୍ରିମ୍‌ସ ସ୍କୁଲ ଅଫ ଅକ୍ୟୁପେସନାଲ ଓ ଫିଜିଓଥେରାପି ପକ୍ଷରୁ ବିଶ୍ୱ ଅଟିଜମ୍ ଦିବସ ବୁଧବାର ପାଳିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ଡ୍ରିମ୍‌ସ ବିଶ୍ୱବିଦ୍ୟାଳୟର ପ୍ରତିଷ୍ଠାତା ଅଧ୍ୟକ୍ଷ ଡ. ପ୍ରମୋଦ ଚନ୍ଦ୍ର ରଥ ଯୋଗଦେଇ କହିଛନ୍ତି, ମସ୍ତିଷ୍କ ବିକାଶ ଓ ସ୍ନାୟୁଜନିତ ସମସ୍ୟା ଯୋଗୁ ଶିଶୁଙ୍କଠାରେ ଦେଖାଯାଉଥିବା ଅଟିଜମ୍ ସମ୍ବନ୍ଧରେ ଅନେକ ସଚେତନ ନୁହନ୍ତି, ଫଳରେ ଚିକିତ୍ସା ବିଳମ୍ବିତ ହୋଇ ଶିଶୁକୁ ସାରା ଜୀବନ କଷ୍ଟ ସହିବାକୁ ପଡ଼େ। ଏ ଦିଗରେ ବ୍ୟାପକ ସଚେତନତା ସୃଷ୍ଟିର ଉପରେ ସେ ଗୁରୁତ୍ୱାରୋପ କରିଥିଲେ। ପ୍ରଶାସନିକ ନିର୍ଦ୍ଦେଶକ ବଳରାମ କର, ନିର୍ଦ୍ଦେଶକ (ଛାତ୍ର ସମ୍ପର୍କ) ପ୍ରାଧ୍ୟାପକ ଲୋକନାଥ ବେହେରା, ପ୍ରଶାସନିକ ଅଧିକାରୀ ଆଶୁତୋଷ ଦ୍ୱିବେଦୀ, ଲୋକ ସମ୍ପର୍କ ଅଧିକାରୀ ନିରାକାର ସାହୁ ଅଟିଜମ୍ ଉପରେ ବକ୍ତବ୍ୟ ଦେଇଥିଲେ। ଡିନ୍ ଡା. ଦୁର୍ଗାପ୍ରସାଦ ମିଶ୍ର ଅଟିଜମ୍ ରୋଗର ଲକ୍ଷଣ ଓ ଚିକିତ୍ସା ପଦ୍ଧତି ସମ୍ପର୍କରେ କହିଥିଲେ। ପ୍ରାଧ୍ୟାପକ ଡା. ଜ୍ୟୋତିରଞ୍ଜନ ସାହୁ, ଡା. ଆଶୀର୍ବାଦ ଦାସ, ଡା. ସୁଚିତ୍ରା ସିଂହ, ଡା. ପାୟଲ ଦାସ, ଡା. ପ୍ରିୟଙ୍କା ପ୍ରିୟଦର୍ଶିନୀ, ଡା. ଚନ୍ଦ୍ରଶେଖର ଆନନ୍ଦ, ଡା. ଦେବଶ୍ରୀ ସାହୁ ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ବର୍ଷା ସେଠୀ, ନିତୁରାଣୀ ବାରିକ ଓ ଶିବଶଙ୍କର ସେଠୀ ବକ୍ତବ୍ୟ ପ୍ରଦାନ କରିଥିଲେ। ପ୍ରାଧ୍ୟାପିକା ଡା. ଶୁଭସ୍ମିତା ମଲ୍ଲିକ ଧନ୍ୟବାଦ ଦେଇଥିଲେ।

# ଉପଭୋକ୍ତାଙ୍କୁ ୩୦୦ ୟୁନିଟ୍ ବିଜୁଳି ଛାଡ଼ କରାଯାଉ

**କଟକ,୨।୪(କାର୍ତ୍ତିକ ସାହୁ)**

ବିଭିନ୍ନ ଦାବି ନେଇ ଭାରତୀୟ କମ୍ୟୁନିଷ୍ଟ ପାର୍ଟି (ସିପିଆଇ) ପକ୍ଷରୁ ବାଦାମବାଡ଼ିସ୍ଥିତ ବିଦ୍ୟୁତ୍ ବିଭାଗର ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ ବୁଧବାର ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ଏଥିସହ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ଅଧିକ୍ଷଣ ଯନ୍ତ୍ରୀଙ୍କୁ ପ୍ରଦାନ କରାଯାଇଛି। ଉପଭୋକ୍ତାଙ୍କୁ ୩୦୦ ୟୁନିଟ୍ ବିଜୁଳି ଛାଡ଼, କୃଷି କ୍ଷେତ୍ରର ବିଦ୍ୟୁତ ଛାଡ଼ କରିବା, ବିଦ୍ୟୁତ୍ ବିତରଣ କମ୍ପାନୀ ଓ ରାଜ୍ୟ ବିଦ୍ୟୁତ୍ ନିୟାମକ ସଂସ୍ଥା ଦ୍ୱାରା ଉପଭୋକ୍ତାଙ୍କ ସ୍ୱାର୍ଥ ବିରୋଧୀ ନିଷ୍ପତ୍ତିରେ ରାଜ୍ୟ ସରକାର ରୋକ୍ ଲଗାଇବା ପାଇଁ ଦାବି କରାଯାଇଛି। ନଗର କମିଟି ସମ୍ପାଦକ ବିଦ୍ୟା ପ୍ରସନ୍ନ ମହାପାତ୍ରଙ୍କ ନେତୃତ୍ୱରେ ଆଡ୍‌ଭୋକେଟ ଅମରେନ୍ଦୁ ମହାନ୍ତି, ସଞ୍ଜୟ ପରିଜା, ସୁଶାନ୍ତ ମହାପାତ୍ର, କ୍ଷୀରୋଦ ବିଶ୍ୱାଳ, ପ୍ରଭାତ ସାହୁ, ଛବି ଖୁଣ୍ଟିଆ, ଅକ୍ଷୟ ସାହୁ, ସୁକାନ୍ତି ପଢିହାରୀ, ନିତ୍ୟାନନ୍ଦ ନାୟକ ବିକ୍ଷୋଭରେ ସାମିଲ ହୋଇଥିଲେ।

# ଛାତ୍ରୀଛାତ୍ରଙ୍କୁ ସୁରକ୍ଷା ପ୍ରଦାନ ଦାବିରେ ଧାରଣା




ରେଭେନ୍‌ଶା ବିଶ୍ୱବିଦ୍ୟାଳୟର କୁଳପତିଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଛାତ୍ରମାନେ ଧାରଣାରେ ବସିଛନ୍ତି।

**କଟକ,୨।୪(କାର୍ତ୍ତିକ ସାହୁ)**

ରେଭେନ୍‌ଶା ବିଶ୍ୱବିଦ୍ୟାଳୟକୁ ପାଠ ପଢ଼ିବା ପାଇଁ ଆସୁଥିବା ଛାତ୍ରୀଛାତ୍ରଙ୍କୁ ଦୁର୍ବ୍ୟବହାର ସହ ଆକ୍ରମଣ କରାଯାଉଛି। ଫଳରେ ସେମାନେ ଭୟରେ ହଷ୍ଟେଲ ବାହାରକୁ ବାହାରି ପାରୁନାହାନ୍ତି। ପାଠ ପଢ଼ିବାକୁ ଆସି ସେମାନେ ସଂଗ୍ରାମ କରୁଛନ୍ତି ବୋଲି ରେଭେନ୍‌ଶା ବିଶ୍ୱବିଦ୍ୟାଳୟର କୁଳପତିଙ୍କ କାର୍ଯ୍ୟାଳୟ ସମ୍ମୁଖରେ ବୁଧବାର ଧାରଣାରତ ଛାତ୍ରୀଛାତ୍ରମାନେ କହିଛନ୍ତି। ଏ ବିଷୟରେ ହଷ୍ଟେଲ ତତ୍ତ୍ୱାବଧାରକ ଏବଂ କୁଳସଚିବଙ୍କୁ ଜଣାଇଥିଲେ ମଧ୍ୟ ସୁଫଳ ମିଳିପାରି ନାହିଁ। ଅନୁପ୍ରବେଶକାରୀ ତଥା ଅଣଛାତ୍ରମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଉନାହିଁ। ଏପରି ସ୍ଥିତିରେ କୁଳପତି କିମ୍ବା ରାଜ୍ୟ ସରକାର ଏହି ଘଟଣାରେ ନିଜେ ହସ୍ତକ୍ଷେପ କରିବା ଆବଶ୍ୟକ ବୋଲି ଧାରଣାରତ ଛାତ୍ରୀଛାତ୍ର ପ୍ରକାଶ କରିଛନ୍ତି। ଏହାର ଏକ ନିରପେକ୍ଷ ତଦନ୍ତ, ଆକ୍ରମଣକାରୀଙ୍କୁ ଗିରଫ, କ୍ୟାମ୍ପସରେ ଅନୁସୂଚିତ ଜାତି ଏବଂ ଜନଜାତି ଛାତ୍ରୀଛାତ୍ରଙ୍କ ସୁରକ୍ଷା ଏବଂ ଅଣଛାତ୍ରଙ୍କ ଅନୁପ୍ରବେଶ ବନ୍ଦ ପାଇଁ ଦୃଢ଼ ପଦକ୍ଷେପ ନେବାକୁ ସେମାନେ ଦାବି କରିଛନ୍ତି।

କାନାରା ବ୍ୟାଙ୍କ Canara Bank
ସିଣ୍ଡିକେଟ Syndicate
**କ୍ଷେତ୍ରୀୟ କାର୍ଯ୍ୟାଳୟ: କଟକ**
**ସଂଶୋଧନ ପତ୍ର**
ତା.୩୦.୦୩.୨୦୨୫ରିଖ ଦୈନିକ ଖବର କାଗଜ ଧରିତ୍ରୀରେ ପ୍ରକାଶିତ ଆମର "ଡିମାଣ୍ଡ ନୋଟିସ୍"ରେ ଋଣଗ୍ରହୀତା: ମେସର୍ସ ଖୁସି ଏଣ୍ଟରପ୍ରାଇଜେସ୍‌ର ଆକାଉଣ୍ଟ ନିମନ୍ତେ ଦର୍ଶିତ ଶାଖାର ନାମ "ପଟ୍ଟାମୁଣ୍ଡାଇ ଶାଖା" ପରିବର୍ତ୍ତେ "ରାହାମା ଶାଖା" ପଢ଼ିବାକୁ ଅନୁରୋଧ। ଅନ୍ୟାନ୍ୟ ସମସ୍ତ ତଥ୍ୟ ଅପରିବର୍ତ୍ତିତ ରହିବ।
ତା.୦୨.୦୪.୨୦୨୫ / କ୍ଷମତାପ୍ରାପ୍ତ ଅଧିକାରୀ

**GOVERNMENT OF ODISHA**
**DEPARTMENT OF WATER RESOURCES**
**OFFICE OF THE ADDITIONAL CHIEF ENGINEER**
**CENTRAL IRRIGATION CIRCLE, BHUBANESWAR**
**'e' Procurement Notice No. ACECIC - 19/2024-25**
No.A-1250

| Procurement Officer | Bid Identification No. | Name of Work | Cost of Work (Rs. in Lakhs) | Bid Security (Rs.) E.M.D. | Cost of Bid documents (Rs.) | Class of Contractor | Bid documents available online for bidding From | Bid documents available online for bidding To | Date of opening of Technical Bid | Period of completion of work |
|---|---|---|---|---|---|---|---|---|---|---|
| ACE, CIC, BHUBANESWAR | NGR-09/2024-25 | Cement Concrete Lining in Right Distributary of Kuanria Irrigation Project from RD.11.00 Km to 18.20 Km | 834.63 | 834700/- (Online) | 10000/- (Online) | "A" & "Special" Class | 05.04.2025 At 10.00 Hours | 19.04.2025 At 17.00 Hours | 21.04.2025 At 11.00 Hours | 18 (Eighteen Calendar Month) |

e-mail ID : secic_dowr@yahoo.com
Further details conditions can be seen from Govt. website www.tenderorissa.gov.in

Sd./- Additional Chief Engineer,
Central Irrigation Circle

OIPR-32160/11/0023/2425

**ୟୁକୋ ବ୍ୟାଙ୍କ**
ଆଞ୍ଚଳିକ କାର୍ଯ୍ୟାଳୟ, ୟୁକୋ ବ୍ୟାଙ୍କ ବିଲ୍ଡିଙ୍ଗ୍, ୨ୟ ମହଲା, ସି-୨, ଅଶୋକ ନଗର, ଭୁବନେଶ୍ୱର-୭୫୧୦୦୯, ଫୋନ୍: ୦୬୭୪-୨୬୨୦୪୨୩
**ଦଖଲ ନୋଟିସ୍**
ସ୍ଥାବର ସମ୍ପତ୍ତି ନିମନ୍ତେ

(ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନ୍‌ଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ର ଧାରା ୧୩ (୪) ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ)ରୁଲ୍ସ ୨୦୦୨ର ରୁଲ୍ ୮ ଅନୁଯାୟୀ ସ୍ଥାବର ସମ୍ପତ୍ତି ନିମନ୍ତେ)

ନିମ୍ନ ସ୍ୱାକ୍ଷରକାରୀ **ୟୁକୋ ବ୍ୟାଙ୍କ, ଦଳାଇସାହି ଶାଖା**ର କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନ୍‌ଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ (୨୦୦୨ର ନଂ.୫୪) ଏବଂ ଧାରା ୧୩ (୧୨) ଅନୁଯାୟୀ ପ୍ରଦତ୍ତ କ୍ଷମତା ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୩ ଅନୁସାରେ ନିମ୍ନଲିଖିତ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତାଙ୍କୁ କଥିତ ଆକ୍ଟର ଧାରା ୧୩(୨) ଅନୁସାରେ ଡିମାଣ୍ଡ ନୋଟିସ୍ ଜାରି କରାଯାଇ ନୋଟିସ୍ ମାଧ୍ୟମରେ ଦର୍ଶାଯାଇଥିବା ଅର୍ଥ ସହିତ ଚୁକ୍ତି ହାରରେ ସୁଧ ସହିତ ଆନୁସଙ୍ଗିକ ଖର୍ଚ୍ଚ ଏବଂ ଆଇନଗତ ଖର୍ଚ୍ଚ ନୋଟିସ୍ ପ୍ରାପ୍ତି ତାରିଖଠାରୁ **୬୦ ଦିନ** ମଧ୍ୟରେ ପଇଠ କରିବାକୁ କୁହାଯାଇଥିଲା। ଯେହେତୁ ଋଣଗ୍ରହୀତା ତାଙ୍କର ଦେୟ ପଇଠ କରିବାରେ ବିଫଳ ହେଲେ ତେଣୁ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା ଏବଂ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଅଛି କି ଉପର ବର୍ଣ୍ଣିତ ଆଇନର ଧାରା ୧୩(୪) ସହିତ କଥିତ ରୁଲ୍ସର ରୁଲ୍ ୮ ଅନୁସାରେ କ୍ଷମତାପ୍ରାପ୍ତ ଅଧିକାରୀ ନିମ୍ନରେ ବର୍ଣ୍ଣିତ ସମ୍ପତ୍ତିକୁ **ଦଖଲ** ନେଇଛନ୍ତି। ତେଣୁ ବିଶେଷକରି ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା ଏବଂ ସର୍ବସାଧାରଣଙ୍କୁ ଏତଦ୍ୱାରା ଜଣାଇ ଦିଆଯାଉଛି ଯେ, ନିମ୍ନଲିଖିତ ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିବେ ନାହିଁ ଅନ୍ୟଥା ସମ୍ପତ୍ତି ଉପରେ କୌଣସି ପ୍ରକାର କାରବାର ପାଇଁ **ୟୁକୋ ବ୍ୟାଙ୍କ, ଦଳାଇସାହି ଶାଖା** ନିକଟରେ ସମସ୍ତ ଦେୟ ସହିତ ସେବାବଦ ସୁଧ, ଆନୁସଙ୍ଗିକ ଖର୍ଚ୍ଚ ଏବଂ ଦେୟ ପାଇଁ ଉତ୍ତରଦାୟୀ ରହିବେ।

| ଦଳାଇସାହି ଶାଖା / ଋଣଗ୍ରହୀତା/ ଗ୍ୟାରେଣ୍ଟିଦାତାଙ୍କ ନାମ ଓ ଠିକଣା | ଧାର୍ଯ୍ୟ ତାରିଖ ସୁଦ୍ଧା ବକେୟା ରାଶିର ପରିମାଣ | ଡିମାଣ୍ଡ ନୋଟିସ୍ / ଦଖଲ ନୋଟିସ୍ ତାରିଖ | ସ୍ଥାବର ସମ୍ପତ୍ତିର ବିବରଣୀ |
|---|---|---|---|
| ଋଣଗ୍ରହୀତା: ଶେଖ ଅତାବୁର ରହେମାନ / ଗ୍ୟାରେଣ୍ଟିଦାତା: ରୋକିଆ ବେଗମ, ଉଭୟଙ୍କ ଠିକଣା- ସା: ଦଳାଇସାହି, ପୋ: ମାଣିକଗୋଡା, ଜିଲ୍ଲା: ଖୋର୍ଦ୍ଧା-୭୫୨୦୬୬ | ଟ.୧୨,୨୦,୫୨୪.୪୩ + ସେବାବଦ ପରବର୍ତ୍ତୀ ସୁଧ ଏବଂ ଅନ୍ୟାନ୍ୟ ଦେୟ | ୧୯.୧୨.୨୦୨୪ / ୨୮.୦୩.୨୦୨୫ | ଶେଖ ଅତାବୁର ରହେମାନଙ୍କ ନାମରେ ଥିବା ଜମି ଏବଂ ଗୃହର ସମସ୍ତ ଅଂଶବିଶେଷ ଯାହାର ସା/ମୌଜା: ଦଳାଇସାହି, ପୋ: ମାଣିକଗୋଡା, ଥାନା: ବୋଲଗଡ, ଜିଲ୍ଲା: ଖୋର୍ଦ୍ଧା-୭୫୨୦୬୬, ପ୍ଲଟ୍ ନଂ.: ୪୩୮/୨୫୯୨, ୪୩୭/୨୫୯୦, ୪୩୬/୨୫୯୧, ଖାତା ନଂ.: ୧୩୮୦/୨୧୫, |

କ୍ଷେତ୍ର: ୧୭୮୫.୯୬ ବର୍ଗଫୁଟ (ପ୍ଲିନ୍ଥ ଏରିଆ: ୧୨୭୦ ବର୍ଗଫୁଟ), ଏହାର ଚାରିପାର୍ଶ୍ୱରେ ଉତ୍ତର: ଲିଟିଫୁଲ ରହେମାନ, ଦକ୍ଷିଣ: ମୋଜବୁର ରହେମାନ, ପୂର୍ବ: ରାସ୍ତା, ପଶ୍ଚିମ: କମର ଜାନ ଖାନ୍

ସ୍ଥାନ: ଭୁବନେଶ୍ୱର, ତାରିଖ : ୦୨.୦୪.୨୦୨୫ — କ୍ଷମତାପ୍ରାପ୍ତ ଅଧିକାରୀ, ୟୁକୋ ବ୍ୟାଙ୍କ

## ସଂକ୍ଷେପରେ

### ମେରୁ ପର୍ବ ଆରମ୍ଭ



ନିରାକାରପୁର,୨।୪(ମାନସ ଚନ୍ଦ୍ର ପଟ୍ଟନାୟକ): ଖୋର୍ଦ୍ଧା ଜିଲା ନିରାକାରପୁର ସହିତ ଏହାର ଆଖପାଖ ଅଞ୍ଚଳରେ ମେରୁ ପର୍ବ ଉତ୍ସବ ଆରମ୍ଭ ହୋଇଯାଇଛି। ଏହି ଅବସରରେ ଭଗତାମାନେ ନିଜନିଜ ଗ୍ରାମର ଇଷ୍ଟ ଦେବଦେବୀଙ୍କ ଚଳନ୍ତି ପ୍ରତିମାକୁ ସାଥିରେ ନେଇ ସ୍ଥାନୀୟ ଜଳାଶୟରେ ସ୍ନାନ ପରେ ଗ୍ରାମ୍ୟ ପରିକ୍ରମା କରୁଛନ୍ତି। ହେ-ବାର ଭଗତେ ହୋ, ଏ ଗୁହାରିଆର ମନବାଞ୍ଛା ପୂରଣ କରି ଶ୍ଳୋକ ସାଙ୍ଗକୁ ହରିବୋଲ, ହୁଳହୁଳି ଶବ୍ଦରେ ଗାଁ ଦାଣ୍ଡ ଉତ୍ସବ ମୁଖର ହୋଇ ଉଠିଛି। ଝୁଣା ଧୂପର ସୁମଧୁର ବାସ୍ନାରେ ଗ୍ରାମ୍ୟ ପରିବେଶ ମହକି ପଡୁଛି। ଶ୍ରୀଜୀଉଙ୍କ ଏହି ମନୋରମ ଦୃଶ୍ୟ ଦେଖିବାକୁ ଶ୍ରଦ୍ଧାଳୁଙ୍କ ଭିଡ଼ ଜମୁଛି। ଦୈନିକ ସନ୍ଧ୍ୟାରେ ଗାଁ ଦାଣ୍ଡରେ ଭଗତାଙ୍କ ଏହି ପଦଯାତ୍ରା ଯୋଗୁ ଭାବପୂର୍ଣ୍ଣ ପରିବେଶ ସୃଷ୍ଟି ହୋଇଛି।

# ଗାଦିଶ୍ୱରଦେବଙ୍କ ଦଣ୍ଡଯାତ୍ରା ଉତ୍ସବ ଆରମ୍ଭ

ବାଣପୁର,୨।୪(ଦିଲୀପ କୁମାର ସ୍ୱାଇଁ)

ବାଣପୁର ବ୍ଲକ ଦେଓଗାଁ ଗ୍ରାମପଞ୍ଚାୟତ ଅନ୍ତର୍ଗତ ଘାସଡିହ ଗ୍ରାମରେ ଆରାଧ୍ୟ ଠାକୁର ବାବା ଗାଦିଶ୍ୱରଦେବଙ୍କ ଦଣ୍ଡଯାତ୍ରା ଉତ୍ସବ ମଙ୍ଗଳବାରଠାରୁ ଆରମ୍ଭ ହୋଇଛି। ଏହା ୧୩ ଦିନ ପର୍ଯ୍ୟନ୍ତ ଚାଲିବ। ଏହି କ୍ରମରେ ମଙ୍ଗଳବାର ରାତିରେ ମାହେନ୍ଦ୍ର ଲଗ୍ନରେ ଗ୍ରାମର ଚନ୍ଦନ ପୋଖରୀରେ ପାଣିତୋଳା କାର୍ଯ୍ୟକ୍ରମ ସମ୍ପନ୍ନ ହୋଇଯାଇଛି। ଏଥିରେ ୧୩ଜଣ ଭଗତା ଉପସ୍ଥିତ ଥିଲେ। ବୁଧବାର ଭୋର ୫ଟାରେ ଗ୍ରାମ ପୁଷ୍କରିଣୀରେ ସ୍ନାନ କରି ଭାଟପଡ଼ା ଅଞ୍ଚଳର ସୀମା ଠାକୁର ତଥା ଗ୍ରାମର ବାବା ଗ୍ରାମେଶ୍ୱର ଦେବଙ୍କ ମନ୍ଦିର ବେଢା ପରିକ୍ରମା କରି ପାଟ ଭଗତା ବଂଶୀଧର ପ୍ରଧାନଙ୍କ ଦୁଆରେ ଭୋଗ ଖାଇ ଗ୍ରାମ ପରିକ୍ରମା କରିଥିଲେ। ରାତିରେ ଠାକୁରଙ୍କୁ ନେଇ ପାରମ୍ପରିକ ଦଣ୍ଡନୃତ୍ୟ ଉତ୍ସବ ଆରମ୍ଭ ହୋଇଛି। ପାଣିତୋଳା ଓ ଦଣ୍ଡନାଚ ଦେଖିବାକୁ ଲୋକଙ୍କ ଭିଡ଼ ଜମିଥିଲା। ଏହି ପର୍ବ ଘାସଡିହ ଗ୍ରାମରେ କାହିଁ କେଉଁ ଆବାହମାନ କାଳରୁ ପାଳିତ ହୋଇଆସୁଛି। ଚୈତ୍ର ମାସ ମଧ୍ୟଭାଗରୁ ଆରମ୍ଭ ହୋଇଥିବା ଏହି ଦଣ୍ଡଯାତ୍ରା ମେରୁ ସଂକ୍ରାନ୍ତି ଦିନ ଶେଷ ହୋଇଥାଏ।



ପାଣିତୋଳା ଉତ୍ସବ ସମ୍ପନ୍ନ କରାଯାଉଛି।

# ଭିଣୋଇଙ୍କୁ ଖଣ୍ଡାରେ ହାଣି ହତ୍ୟା

ବାଲିପାଟଣା,୨।୪(ଅଭିମନ୍ୟୁ ନାୟକ)

ଖୋର୍ଦ୍ଧା ଜିଲା ବାଲିପାଟଣା ଥାନା ଅଧୀନ ନରଦା ବଜାରରେ ବୁଧବାର ସନ୍ଧ୍ୟାରେ ଏକ ଅଭାବନୀୟ ଘଟଣା ଘଟିଛି। ଜଣେ ବ୍ୟକ୍ତି ତାଙ୍କ ଭିଣୋଇଙ୍କୁ ଖଣ୍ଡାରେ ହାଣି ହତ୍ୟା କରିଛନ୍ତି। ବାଲିପାଟଣା ପୋଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ଅଭିଯୁକ୍ତଙ୍କୁ ଅଟକ ରଖି ତଦନ୍ତ ଚଳାଇଛି। ଅଭିଯୋଗ ଅନୁଯାୟୀ, ପୁରୀ ଜିଲା ନିମାପଡ଼ା ଥାନା ଅଧୀନ ରେଂଘାଳ ଗାଁର ସେକ ମୁସ୍ତାକ ଅଲ୍ଲୀ ତାଙ୍କ ବଡ଼ ଶଳା ମୀର ତୟା ଅଲ୍ଲୀଙ୍କ ନରଦା ବଜାରସ୍ଥିତ ପାନ ଦୋକାନରେ ବସିଥିଲେ। ଏହି ସମୟରେ ସାନ ଶଳା ମୀର ସୟଦ ଅଲ୍ଲୀ ହଠାତ୍ ପହଞ୍ଚି ଭିଣୋଇଙ୍କ ବେକକୁ ଏକ ଖଣ୍ଡାରେ ହାଣି ଦେଇଥିଲେ। ଭିଣୋଇଙ୍କୁ ବଞ୍ଚାଇବାକୁ ବଡ଼ ଶଳା ଚେଷ୍ଟା କଲାବେଳେ ମୀର ସୟଦ ତାଙ୍କୁ ମଧ୍ୟ ଆକ୍ରମଣ କରିବାକୁ ଗୋଡ଼ାଇଥିଲେ। ତେବେ ସେ ଦୋକାନ ଭିତରେ ପଶିଯିବାରୁ ବର୍ତ୍ତିଯାଇଥିଲେ। ଘଟଣା ଘଟାଇ ମୀର ସୟଦ ସେଠାରୁ ଦୌଡ଼ି ପଳାଉଥିବାବେଳେ ବାଗଲପୁରଠାରେ ସ୍ଥାନୀୟ ଲୋକେ ତାଙ୍କୁ କାବୁ କରି ପୋଲିସ ଜିମା ଦେଇଛନ୍ତି। ଏ ସଂକ୍ରାନ୍ତରେ ମୃତକଙ୍କ ପରିବାର ଲୋକଙ୍କ କହିବା ମୁତାବକ, ମୀର ସୟଦ ଓ ତାଙ୍କ ସ୍ତ୍ରୀଙ୍କ ମଧ୍ୟରେ ମନୋମାଳିନ୍ୟ ହୋଇଥିବାବେଳେ ଏନେଇ ମହିଳା କମିଶନରେ ବିଚାର ଚାଲିଛି। ଭିଣୋଇ ଏଥିରେ ହସ୍ତକ୍ଷେପ କରି ତୁଟାଇବାକୁ ମୀର ସୟଦଙ୍କୁ କହିବାରୁ ସେ ରାଜି ହୋଇ ନ ଥିଲେ। ସେ ପୈତୃକ ଜମି ବିକ୍ରି କରିବାକୁ ଜିଦ୍ ଧରିବାରୁ ଶଳା- ଭିଣୋଇଙ୍କ ମଧ୍ୟରେ କିଛି ମାସ ପୂର୍ବରୁ ପାଟିତୁଣ୍ଡ ହୋଇ ବିବାଦ ଲାଗିରହିଥିଲା। ଏ ସଂକ୍ରାନ୍ତରେ ଅଭିଯୁକ୍ତ ମୀର ସୟଦ କହିଛନ୍ତି, 'ଭିଣୋଇ ଆମ ସ୍ୱାମୀ ସ୍ତ୍ରୀଙ୍କ ଘଟଣାକୁ ସମାଧାନ କରିବା ପରିବର୍ତ୍ତେ ସ୍ତ୍ରୀଙ୍କୁ ଶିଖାଇ ବିଶୃଙ୍ଖଳା ସୃଷ୍ଟି କରୁଥିଲେ। ସନ୍ଧ୍ୟାରେ ତାଙ୍କୁ ସାମ୍ନାରେ ଦେଖିଦେବାରୁ ମୋ ମୁଣ୍ଡକୁ ପିତ୍ତ ଚଢିଗଲା, ମୁଁ ତାଙ୍କୁ ହାଣିଦେଲି।'

# ଶିକ୍ଷାର୍ଥୀଙ୍କ ଭବିଷ୍ୟତ ଗଠନର ମୂଳ ବାହକ ମାତାପିତା

ବେଗୁନିଆ,୨।୪(ହର ପ୍ରସନ୍ନ ପଣ୍ଡା)

ବେଗୁନିଆ ସଦର ମହକୁମାସ୍ଥିତ ପ୍ରମୁଖ ଘରୋଇ ଶିକ୍ଷାନୁଷ୍ଠାନ ନାଳନ୍ଦା ପବ୍ଲିକ ସ୍କୁଲର ଏକାଦଶତମ ସାମ୍ୱତ୍ସରିକ ସମାରୋହ ମଙ୍ଗଳବାର ସନ୍ଧ୍ୟାରେ ପାଳିତ ହୋଇଯାଇଛି। ଆୟୋଜକ ଶିକ୍ଷା ଅନୁଷ୍ଠାନର ପ୍ରାଣ ପ୍ରତିଷ୍ଠାତା ଅଜୟ କୁମାର ସାହୁ ଏଥିରେ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥି ଭାବେ ଶିକ୍ଷାବିତ୍ ତଥା ସଙ୍ଗଠକ ଅଖିଳେଶ ମହାପାତ୍ର ଯୋଗଦେଇ ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମ ଶୁଭାରମ୍ଭ କରିଥିଲେ। ପ୍ରବଚକ ତଥା ପ୍ରଶିକ୍ଷକ ସନ୍ତୋଷ କୁମାର ମହାପାତ୍ର ବକ୍ତା ଭାବେ ଏବଂ ସ୍ୱତନ୍ତ୍ର ଅତିଥି ଭାବେ ଓଡ଼ିଶା ଶିକ୍ଷା ବିକାଶ ପରିଷଦ ସମ୍ପାଦକ ସୁରେଶ ଚନ୍ଦ୍ର ସାମନ୍ତରାୟ ପ୍ରମୁଖ ମଞ୍ଚାସୀନ ଥିଲେ। ମାତାପିତା ହେଉଛନ୍ତି ଶିକ୍ଷାର୍ଥୀଙ୍କ ଭବିଷ୍ୟତ ଗଠନ ତଥା ବୈଦ୍ଧିକ ବିକାଶର ମୂଳ ବାହକ। ସର୍ବୋପରି ଦେଖିବାକୁ ଗଲେ କେବଳ ଶିଶୁମାନେ ଆଜି ବିକଶିତ ଭାରତକୁ ସର୍ବୋଚ୍ଚ ସ୍ଥାନରେ ପହଞ୍ଚାଇ ପାରିଥିବା ଅତିଥିମାନେ ମତବ୍ୟକ୍ତ କରିଥିଲେ। ଶିକ୍ଷକ ସୁଧାକର ସେଠୀ ମଞ୍ଚ ପରିଚାଳନା କରିଥିଲେ। ଅନୁଷ୍ଠାନର ଅଧ୍ୟକ୍ଷ ରାଜେଶ କୁମାର ସାହୁ ଅତିଥି ପରିଚୟ ଓ ବାର୍ଷିକ ବିବରଣୀ ପାଠ କରିଥିଲେ। ଏହି ଅବସରରେ ଅନୁଷ୍ଠାନର ଛାତ୍ରୀଛାତ୍ରମାନେ ବିଭିନ୍ନ ସାଂସ୍କୃତିକ ଓ ସଚେତନତା କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। କଣ୍ଠଶିଳ୍ପୀ ପ୍ରଫୁଲ୍ଲ କୁମାର ନାଳନ୍ଦା ସଙ୍ଗୀତ ଗାନ କରିଥିଲେ। ଗୁରୁମା ଅମିତା ପଟ୍ଟନାୟକ, ଜ୍ୟୋସ୍ନାରାଣୀ ମହାରଣା, ରେଣୁବାଳା ଭୂୟାଁ, ଗୀତାଞ୍ଜଳି ବେହେରା ଗୁଡୁବାଳା ଚମ୍ପତି ସୁଶ୍ରୀ ସଙ୍ଗୀତା, ଲକ୍ଷ୍ମୀପ୍ରିୟା ସାହୁ, ଅର୍ପିତା ବେହେରା, ଶୁଭସ୍ମିତା ମାଝୀ, ସୁଚିସ୍ମିତା ସୁନ୍ଦରାୟ ପ୍ରମୁଖ ଉପସ୍ଥିତ ଥିଲେ। ଗୁରୁଜୀ ଭାଗିରଥି ନାୟକ ଧନ୍ୟବାଦ ଦେଇଥିଲେ।





ପିଲାମାନେ ନୃତ୍ୟ ପରିବେଷଣ କରୁଛନ୍ତି।

### ୨ ଶିକ୍ଷକଙ୍କୁ ଅବସର ସମ୍ବର୍ଦ୍ଧନା

ବାଣପୁର,୨।୪(ଦିଲୀପ କୁମାର ସ୍ୱାଇଁ): କନ୍ହେଇପୁର ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଦୁଇ ଜଣ ବରିଷ୍ଠ ଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି। ଶିକ୍ଷାବିତ୍ ବସନ୍ତ କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ଶିବପ୍ରସାଦ ତ୍ରିପାଠୀ, ବିଶ୍ୱଭୂଷଣ ରାଉତରାୟ, ପ୍ରାକ୍ତନ ଏବିଇଓ ଲକ୍ଷ୍ମୀନାରାୟଣ ପ୍ରସାଦ ନାୟକ, ପ୍ରାକ୍ତନ ପ୍ରଧାନ ଶିକ୍ଷକ ଭିକାରୀ ଚରଣ ପ୍ରଧାନ, ମନୋଜ କୁମାର ବରାଳ, ସିଆର୍‌ସିସି ପ୍ରେମଚାନ୍ଦ ସାହୁ, ସୁରଥ କୁମାର ପାତ୍ର, ବିଦ୍ୟାଳୟ ପରିଚାଳନା କମିଟି ପୂର୍ବତନ ସଭାପତି ରବୀନ୍ଦ୍ର କୁମାର ମାର୍ଥା, ସମାଜସେବୀ ରାମଚନ୍ଦ୍ର ପ୍ରଧାନ ଅତିଥି ଭାବେ ଯୋଗଦେଇ ବିଦାୟୀ ଶିକ୍ଷକ ଦ୍ୱୟଙ୍କ କର୍ତ୍ତବ୍ୟନିଷ୍ଠା, ଛାତ୍ରବତ୍ସଳତାର ପ୍ରଶଂସା କରିଥିଲେ। ଉଭୟ ଶିକ୍ଷକଙ୍କୁ ଉପଢୌକନ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରାଯାଇଥିଲା।

# ଶିଶୁବାଟିକା ପ୍ରବେଶ ଉତ୍ସବ, ଖଡ଼ିଛୁଆଁ



ସିଆର୍‌ସିସି ରାଜୀବ ମହାପାତ୍ର ଓ ସରପଞ୍ଚ ଶ୍ରୀରାମ ପ୍ରସାଦ ମହାନ୍ତି ପିଲାଙ୍କୁ ଖଡ଼ି ଛୁଆଁଉଛନ୍ତି।

ଖୋର୍ଦ୍ଧା,୨।୪ (ପ୍ରଭାତ ପାଣିଗ୍ରାହୀ)

ଖୋର୍ଦ୍ଧା ବ୍ଲକ୍ ଅଧୀନ କୁରାଡ଼ମଲ୍ଲ ସରକାରୀ ଉଚ୍ଚ ବିଦ୍ୟାଳୟରେ ବୁଧବାର ଶିଶୁ ବାଟିକାର ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସିଆର୍‌ସିସି ରାଜୀବ ଚରଣ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ କୁରାଡ଼ମଲ୍ଲ ସରପଞ୍ଚ ଶ୍ରୀରାମ ପ୍ରସାଦ ମହାନ୍ତି ପୌରୋହିତ୍ୟ କରିଥିଲେ। ମୋ ସ୍କୁଲ କମିଟିର ସଭାପତି, ସଭ୍ୟ, ବିଦ୍ୟାଳୟ କମିଟି ସଭାପତି ଏବଂ ସ୍କୁଲର ପ୍ରଧାନ ଶିକ୍ଷକଙ୍କ ସମେତ ଅନ୍ୟ ଶିକ୍ଷୟିତ୍ରୀ ଶିକ୍ଷକ ଉପସ୍ଥିତ ରହି ଅଭିଭାବକ ଓ ଛାତ୍ରୀଛାତ୍ରଙ୍କୁ ପୁଷ୍ପଗୁଚ୍ଛ, ଫୁଲ, ଚନ୍ଦନ ଦେଇ ବିଦ୍ୟାଳୟକୁ ସ୍ୱାଗତ କରିଥିଲେ। ଏହି ଅବସରରେ ବିଦ୍ୟାଳୟର ଶ୍ରେଣୀଗୃହ ପରିସରରେ ଛାତ୍ରୀଛାତ୍ରଙ୍କୁ ଖଡ଼ି ଛୁଆଁଇ ସେମାନଙ୍କୁ ଓଁ, ଶ୍ରୀ, ଅ, ଆ ଲେଖାଇ ଅନୁକୂଳ କରାଇଥିଲେ ।

### ମାତୃଭୂମି, ମାତୃଭାଷାର ସୁରକ୍ଷା ନାଗରିକଙ୍କ କର୍ତ୍ତବ୍ୟ

ବେଗୁନିଆ,୨।୪(ହର ପ୍ରସନ୍ନ ପଣ୍ଡା): ବେଗୁନିଆ ମହାବିଦ୍ୟାଳୟ ନିକଟସ୍ଥ ଏକ ଘରୋଇ କୋଚିଂ ସେଣ୍ଟର ପରିସରରେ ମଙ୍ଗଳବାର ଓଡ଼ିଶା ଦିବସ ପାଳିତ ହୋଇଯାଇଛି। ଶ୍ୱେତପଦ୍ମା ସାହିତ୍ୟ ସଂସଦ ଆନୁକୂଲ୍ୟରେ ଆୟୋଜିତ ସଭାରେ ପ୍ରାରମ୍ଭରେ 'ବନ୍ଦେ ଉତ୍କଳ ଜନନୀ' ସଙ୍ଗୀତ ଗାନ କରାଯାଇଥିଲା। ଅନୁଷ୍ଠାନ ସଭାପତି ଭାଗୀରଥି ପରିଡ଼ା ଏଥିରେ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥି ଭାବେ ସାରଙ୍ଗଧର ସାହୁ ଯୋଗଦେଇଥିଲେ। ଡ. ପ୍ରତିମା ଷଡ଼ଙ୍ଗୀ ବକ୍ତା ଏବଂ ସାମାଜିକ କର୍ମୀ ରଘୁନାଥ ସାହୁ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ। ମାତୃଭୂମି ଓ ମାତୃଭାଷାକୁ ସୁରକ୍ଷା ଦେବା ପ୍ରତ୍ୟେକ ଉତ୍କଳୀୟଙ୍କ କର୍ତ୍ତବ୍ୟ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ଅନୁଷ୍ଠାନ ସମ୍ପାଦିକା ସୁଶ୍ରୀ ପ୍ରତିମା ପ୍ରଧାନ ସ୍ୱାଗତ ଭାଷଣ ଦେବା ସହ ଦିବସର ତାତ୍ପର୍ଯ୍ୟ ସମ୍ପର୍କରେ ଆଲୋଚନା କରିଥିଲେ। ଶ୍ରୀକୁମାର ସାହୁ ଓ ସୋମନାଥ ସାହୁ କାର୍ଯ୍ୟକ୍ରମକୁ ସଂଯୋଜନା ସହ ମଙ୍ଗଳା ଚରଣ ପାଠ କରିଥିଲେ। ସମସ୍ତ ଛାତ୍ରୀଛାତ୍ର ମିଳିତ ଭାବେ ବରପୁତ୍ରଙ୍କ ଉଦ୍ଦେଶ୍ୟରେ ସ୍ମୃତିଚାରଣ କରିଥିଲେ। ବିଶିଷ୍ଟ ସଙ୍ଗୀତ ବିଶାରଦ ପ୍ରଦୀପ କିଶୋର ତ୍ରିପାଠୀ ଧନ୍ୟବାଦ ଦେଇଥିଲେ। ଏଥିରେ ଜଗନ୍ନାଥ ମହାପାତ୍ର, ଉତ୍କଳିକା ସାହୁ, ଶତ୍ରୁଘ୍ନ ସାହୁ, ଲକ୍ଷ୍ମୀଧର ମହାରଣା, ଶୁଭମ ସାହୁ, ଦିବ୍ୟରଞ୍ଜନ ମହାରଣା, ଶୁଭମ ବରାଳ, ସ୍ୱରୂପ ସାମନ୍ତରାୟ, ସ୍ୱପ୍ନାରାଣୀ ମହାରଣା ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ କବିତା ପାଠୋତ୍ସବ ଓ ବକ୍ତୃତା ପ୍ରତିଯୋଗିତା କରାଯାଇଥିଲା। ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଶୁଭମ ସାହୁ, ଦ୍ୱିତୀୟ ବର୍ଷାରାଣୀ ସ୍ୱାଇଁ ଓ ଯୁଗ୍ମ ତୃତୀୟ ସ୍ଥାନ ଦେବସ୍ମିତା ସାହୁ ଓ ସ୍ୱପ୍ନା ପ୍ରିୟଦର୍ଶିନୀ ପାଇକରାୟ ଛାତ୍ରୀଛାତ୍ରଙ୍କୁ ସମ୍ମାନିତ କରାଯାଇଥିଲା।

# ସେମିଫାଇନାଲରେ ବାବା ସ୍ପୋର୍ଟିଂ



ଅତିଥିଙ୍କ ଗହଣରେ ଖେଳାଳିମାନେ।

ବୋଲଗଡ଼,୨।୪(ଦେବବ୍ରତ ହୋତା)

**ମହାବୀର ଦେବ ରାଜ୍ୟସ୍ତରୀୟ ଫୁଟବଲ ଟୁର୍ଣ୍ଣାମେଣ୍ଟ**

ବୋଲଗଡ଼ ବ୍ଲକ ଗୋପାଳପୁର ପଞ୍ଚାୟତ ଅଧୀନ ୧୩ଟି ଗ୍ରାମ ଅଧିବାସୀଙ୍କ ମିଳିତ ସହଯୋଗରେ ନାରାୟଣୀପଡ଼ା ସ୍କୁଲ ପଡ଼ିଆରେ ଅନୁଷ୍ଠିତ ମହାବୀର ଦେବ ରାଜ୍ୟସ୍ତରୀୟ ଫୁଟବଲ ଟୁର୍ଣ୍ଣାମେଣ୍ଟର ଚତୁର୍ଥ କ୍ୱାର୍ଟର ଫାଇନାଲ ମ୍ୟାଚ ବୁଧବାର ଅନୁଷ୍ଠିତ ହୋଇଯାଇଛି। ଏଥିରେ ସରଧାପୁରର ଡାଇମଣ୍ଡ କ୍ଲବକୁ ୨-୧ ଗୋଲ ବ୍ୟବଧାନରେ ହରାଇ ଜଟଣୀ ପୋଡ଼ପାଟଣାର ବାବା ସ୍ପୋର୍ଟିଂ ସେମିଫାଇନାଲରେ ପ୍ରବେଶ କରିଛି। ଖେଳ ପ୍ରଥମାର୍ଦ୍ଧର ୭ମ ଓ ୧୭ଶ ମିନିଟ୍‌ରେ ବାବା ସ୍ପୋର୍ଟିଂ ୨ଟି ଗୋଲ ସ୍କୋର କରି ଅଗ୍ରଣୀ ରହିଥିଲା। ଦ୍ୱିତୀୟାର୍ଦ୍ଧ ୩୦ତମ ମିନିଟ୍‌ରେ ଡାଇମଣ୍ଡ କ୍ଲବ ଗୋଟିଏ ଗୋଲ ଶୁଝାଇଥିଲା। ମ୍ୟାଚ୍‌କୁ ରେଫରୀ ଭାବେ ଚିତ୍ତରଞ୍ଜନ ପରିଡ଼ା, ଶରତଚନ୍ଦ୍ର ଛୋଟରାୟ ଓ ଏମ୍.ଏସ୍. ବେଗ ପରିଚାଳନା କରିଥିଲେ। ମ୍ୟାଚ କମିଶନର ଭାବେ ବୈକୁଣ୍ଠ ମହାପାତ୍ର ଦାୟିତ୍ୱ ନିର୍ବାହ କରିଥିଲେ। ଅତିଥି ଭାବେ ବୋଲଗଡ଼ ବିଡିଓ ଶରତ ମଲ୍ଲିକ, ଧଳାପଥର ସମିତି ସଭ୍ୟ ବିଜୟ କୁମାର ସୁବୁଦ୍ଧି ଓ ସ୍ଥାନୀୟ ସରପଞ୍ଚ ପ୍ରଦୀପ ବାରିକ ପ୍ରମୁଖ ଉପସ୍ଥିତ ଥିଲେ। ଗୁରୁବାର ପ୍ରଥମ ସେମିଫାଇନାଲ ମ୍ୟାଚରେ କୁହୁଡ଼ିର ମହାବୀର ସ୍ପୋର୍ଟିଂ ଓ ଠଣାପଲ୍ଲୀର ସେଭେନ -୨ କ୍ଲବ ମଧ୍ୟରେ ମ୍ୟାଚ ଅନୁଷ୍ଠିତ ହେବ ବୋଲି ଆୟୋଜକଙ୍କ ପକ୍ଷରୁ ଭାସ୍କର ଚୌଧୁରୀ ସୂଚନା ପ୍ରଦାନ କରିଛନ୍ତି।

### ଖଡ଼ି ଛୁଇଁଲେ ନୂତନ ଛାତ୍ରୀଛାତ୍ର

ଖୋର୍ଦ୍ଧା,୨।୪(ପ୍ରଭାତ ପାଣିଗ୍ରାହୀ)

ଗୁରୁଜଙ୍ଗସ୍ଥିତ ସରସ୍ୱତୀ ଶିଶୁ ମନ୍ଦିରରେ ବୁଧବାର ବିଦ୍ୟାରମ୍ଭ ପୂଜା ଓ ଖଡ଼ିଛୁଆଁ ଉତ୍ସବ ପାଳିତ ହୋଇଯାଇଛି। ଅଭିଭାବିକା, ଅଭିଭାବକ, ଗୁରୁମା', ଗୁରୁଜୀ, ଛାତ୍ରୀଛାତ୍ରମାନେ ଶ୍ରୀଧବଳେଶ୍ୱରଙ୍କ ପୀଠରେ ପୂଜାର୍ଚ୍ଚନା ପୂର୍ବକ କଳସ ଶୋଭାଯାତ୍ରାରେ ବାହାରି ସାହି ପରିକ୍ରମା କରି ବିଦ୍ୟାଳୟରେ ପହଞ୍ଚିଥିଲେ। ଗୁରୁମା'ମାନେ ନୂତନ ଛାତ୍ରୀଛାତ୍ରଙ୍କ ଖଡ଼ିଛୁଆଁ କରାଇଥିଲେ। 'ବିଦ୍ୟାଳୟ ସମ୍ପାଦକ ସମରେନ୍ଦ୍ରନାଥ ଶତପଥୀ, ସହସମ୍ପାଦକ ସୁବାସ ଚନ୍ଦ୍ର ସାହୁ, କୋଷାଧ୍ୟକ୍ଷ ସୁମନ୍ତ ଚନ୍ଦ୍ର ମହାନ୍ତି, ପ୍ରଧାନ ଆଚାର୍ଯ୍ୟ ଦୁଷ୍ମନ୍ତ ସୁବୁଦ୍ଧି ପ୍ରମୁଖଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟ ସମ୍ପାଦନ ହୋଇଥିଲା।

# ଉତ୍କଳ ସେବା ଅନୁଷ୍ଠାନର ପ୍ରତିଷ୍ଠା ଦିବସ

ଯାଁଳା,୨।୪(ବୁଲା ବାରିକ)

ଭୁବନେଶ୍ୱର ଉପକଣ୍ଠ ଓଗାଳପଡ଼ାସ୍ଥିତ ଉତ୍କଳ ସେବା ଅନୁଷ୍ଠାନର ୪୧ତମ ପ୍ରତିଷ୍ଠା ଦିବସ ସହ ସ୍ୱତନ୍ତ୍ର ଉତ୍କଳର ୮୯ତମ ସ୍ୱନକ୍ଷତ୍ର ବୁଧବାର ପାଳିତ ହୋଇଯାଇଛି। ମୁରଲୀଧର ଜେନାଙ୍କ ପୌରୋହିତ୍ୟରେ ଆୟୋଜିତ ଏହି ସଭାରେ ମୁଖ୍ୟ ଅତିଥି ଭାବେ ସୁଲେଖକ ଡ. ସନ୍ତୋଷ ମିଶ୍ର, ମୁଖ୍ୟବକ୍ତା ଭାବେ ରବିନାରାୟଣ ସାମନ୍ତରାୟ, ସମ୍ମାନିତ ଅତିଥି ଭାବେ ସାମାଜିକ କର୍ମୀ କାନନବାସୀ ସାମନ୍ତରାୟ, ପ୍ରକାଶ ଚନ୍ଦ୍ର ପୃଷ୍ଟି ଓ ଗୌତମ ମହାରଣା ଯୋଗ ଦେଇଥିଲେ। ଦାତାରାମ ଅଶୋକ ମଙ୍ଗରାଜ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିଲେ। ରମାକାନ୍ତ ଦାସ ଅନୁଷ୍ଠାନର ଆଦର୍ଶ ଓ କାର୍ଯ୍ୟଶୈଳୀ ଉପରେ ଆଲୋକପାତ କରିଥିଲେ। ଅନୁଷ୍ଠାନର ମୁଖପତ୍ର 'ଉଷା' ଉନ୍ମୋଚନ ହୋଇଥିଲା। ପତ୍ରିକାର ମୁଖ୍ୟ ସମ୍ପାଦକ ସହପ୍ରାଧ୍ୟାପକ ଅମ୍ବରୀଶ ମଙ୍ଗରାଜ ପତ୍ରିକାର ଗୁଣାତ୍ମକ ଦିଗ ଉପରେ ଆଲୋଚନା କରିଥିଲେ। ବକ୍ତୃତା, କବିତା ପାଠ ପ୍ରତିଯୋଗିତାର କୃତୀ ବିଦ୍ୟାର୍ଥୀଙ୍କୁ ପୁରସ୍କୃତ କରାଯାଇଥିଲା। ସମ୍ପାଦକ ବିଷ୍ଣୁ ପ୍ରସାଦ ଦଳେଇ ଧନ୍ୟବାଦ ଦେଇଥିଲେ।

# ଠିକ୍ ମାର୍ଗ ଦେଖାଏ ମହିମା ଧର୍ମ



ମହୋତ୍ସବରେ ଉପସ୍ଥିତ ମହିମା ଧର୍ମାବଲମ୍ବୀ ସାଧୁସନ୍ଥ।

ଜଟଣୀ,୨।୪(ରବୀନ୍ଦ୍ରନାଥ ମହାକୁଡ଼)

**ଲବଣଗିରି ମହିମା ଆଶ୍ରମର ବାର୍ଷିକ ମହୋତ୍ସବ**

ଜଟଣୀ ବ୍ଲକ ଅଧୀନ ଜାମୁକୋଳି ନିକଟ ଲବଣଗିରି ମହିମା ଆଶ୍ରମରେ ବୁଧବାର ୩୯ତମ ବାର୍ଷିକ ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ମଠାଧୀଶ ସାଧୁ ଅନାମ ଚରଣ ଦାସଙ୍କ ତତ୍ତ୍ୱାବଧାନ ତଥା ପୂଜ୍ୟ ବ୍ରହ୍ମାବଧୂତ ଶୁକଦେବ ବାବାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଯୋରନ୍ଦା ମହିମା ଗାଦିର ଶହ ଶହ ସାଧୁ ଯୋଗଦେଇଥିଲେ। ଯୋରନ୍ଦା ଗାଦିର ସଭାପତି ସାଧୁ ଶୁକଦେବ ଦାସ, ପ୍ରସନ୍ନ କୁମାର ଦାସ, ମୁରଲୀଧର ଦାସ ଏବଂ ଅନେକ ସିଦ୍ଧ ପୁରୁଷ ସାଧୁସନ୍ଥ ଉପସ୍ଥିତ ଥିଲେ। ସନାତନ ଧର୍ମର ଅଦ୍ୱୈତ ଧର୍ମବାଦ ହେଉଛି ମହିମା ଧର୍ମ। ଯେ ଆତ୍ମଜ୍ଞାନଦାତା, ଯେ ଶରୀର ଆତ୍ମା ଓ ସମାଜକୁ ବଳ ପ୍ରଦାନ କରନ୍ତି, ଯାହାର ପ୍ରତ୍ୟକ୍ଷ ସତ୍ୟ ସ୍ୱରୂପ ଶାସନକୁ ସମସ୍ତେ ମାନନ୍ତି, ତାହାଙ୍କ ପ୍ରତି ଭକ୍ତି ଶ୍ରଦ୍ଧା ଅର୍ପଣ କରିବାକୁ ସାଧୁମାନେ ଆହ୍ୱାନ ଦେଇଥିଲେ। ଭାରତୀୟ ସଂସ୍କୃତିର ସୁରକ୍ଷା ଏବଂ ପ୍ରଚାରପ୍ରସାର ପାଇଁ ବ୍ରତୀ ଥିବା ସାଧୁ ଅନାମ ଚରଣ ଦାସ ଦୀର୍ଘ ୩୯ବର୍ଷ ଧରି ଲବଣଗିରି ମହିମା ଆଶ୍ରମରେ ଏହି କାର୍ଯ୍ୟକ୍ରମ ପରିଚାଳନା କରିଆସୁଛନ୍ତି। ବିପଥଗାମୀ ମଣିଷଙ୍କୁ ସଠିକ୍ ମାର୍ଗରେ ପରିଚାଳନା କରିବାକୁ ଏହି ଆଶ୍ରମରେ ଦୈନିକ ଜ୍ଞାନଚର୍ଚ୍ଚା, ସାଧୁବାଣୀ, ଶାସ୍ତ୍ର ଆଲୋଚନା ହୋଇଥାଏ। ଲବଣଗିରି ମହିମା ଆଶ୍ରମରେ ଏହି ବ୍ରହ୍ମଯଜ୍ଞ ପାଇଁ ବୁଧବାର ବ୍ରାହ୍ମ ମୁହୂର୍ତ୍ତରୁ ଅଖଣ୍ଡ ଜ୍ୟୋତି ଅର୍ପଣ କରାଯାଇଥିଲା। ଗୁରୁବାର ବ୍ରାହ୍ମ ମୁହୂର୍ତ୍ତରେ ପୂର୍ଣ୍ଣାହୁତି ଅନୁଷ୍ଠିତ ହେବ ବୋଲି ଆଶ୍ରମ ପରିଚାଳନା କମିଟି ପକ୍ଷରୁ ସୂଚନା ମିଳିଛି।


କାନାରା ବ୍ୟାଙ୍କ Canara Bank
ସିଣ୍ଡିକେଟ Syndicate
କ୍ଷେତ୍ରୀୟ କାର୍ଯ୍ୟାଳୟ: କଟକ
**ସଂଶୋଧନ ପତ୍ର**
ତା.୩୦.୦୩.୨୦୨୫ରିଖ ଦୈନିକ ଖବର କାଗଜ ଧରିତ୍ରୀରେ ପ୍ରକାଶିତ ଆମ୍ଭର "ଡିମାଣ୍ଡ ନୋଟିସ୍"ରେ ଋଣଗ୍ରହୀତା: ମେସର୍ସ ଖୁସି ଏଣ୍ଟରପ୍ରାଇଜେସ୍‌ର ଆକାଉଣ୍ଟ ନିମନ୍ତେ ଦର୍ଶିତ ଶାଖାର ନାମ "ପଟାମୁଣ୍ଡାଇ ଶାଖା" ପରିବର୍ତ୍ତେ "ରାହାମା ଶାଖା" ପଢିବାକୁ ଅନୁରୋଧ। ଅନ୍ୟାନ୍ୟ ସମସ୍ତ ତଥ୍ୟ ଅପରିବର୍ତ୍ତିତ ରହିବ।
ତା.୦୨.୦୪.୨୦୨୫ / କ୍ଷମତାପ୍ରାପ୍ତ ଅଧିକାରୀ

**GOVERNMENT OF ODISHA**
**DEPARTMENT OF WATER RESOURCES**
**OFFICE OF THE ADDITIONAL CHIEF ENGINEER**
**CENTRAL IRRIGATION CIRCLE, BHUBANESWAR**
**'e' Procurement Notice No. ACECIC - 19/2024-25**
No.A-1250

| Procurement Officer | Bid Identification No. | Name of Work | Cost of Work (Rs. in Lakhs) | Bid Security (Rs.) E.M.D. | Cost of Bid documents (Rs.) | Class of Contractor | Bid documents available online for bidding | | Date of opening of Technical Bid | Period of completion of work |
|---|---|---|---|---|---|---|---|---|---|---|
| | | | | | | | From | To | | |
| ACE, CIC, BHUBANESWAR | NGR-09/2024-25 | Cement Concrete Lining in Right Distributary of Kuanria Irrigation Project from RD.11.00 Km to 18.20 Km | 834.63 | 834700/- (Online) | 10000/- (Online) | "A" & "Special" Class | 05.04.2025 At 10.00 Hours | 19.04.2025 At 17.00 Hours | 21.04.2025 At 11.00 Hours | 18 (Eighteen Calendar Month) |

e-mail ID : secic_dowr@yahoo.com
Further details conditions can be seen from Govt. website www.tenderorissa.gov.in
Sd./- Additional Chief Engineer, Central Irrigation Circle
OIPR-32160/11/0023/2425

**ୟୁକୋ ବ୍ୟାଙ୍କ**
ଆଞ୍ଚଳିକ କାର୍ଯ୍ୟାଳୟ, ୟୁକୋ ବ୍ୟାଙ୍କ ବିଲ୍ଡିଂ, ୨ୟ ମହଲା, ସି-୨, ଅଶୋକ ନଗର, ଭୁବନେଶ୍ୱର-୭୫୧୦୦୯, ଫୋନ୍: ୦୬୭୪-୨୬୨୦୪୨୩
**ଦଖଲ ନୋଟିସ୍**
ସ୍ଥାବର ସମ୍ପତ୍ତି ନିମନ୍ତେ
(ସିକ୍ୟୁରିଟାଇଜେସନ୍ ଆଣ୍ଡ୍ ରିକନ୍‌ଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ୍ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ର ଧାରା ୧୩ (୪) ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ)ରୁଲ୍ସ ୨୦୦୨ର ରୁଲ୍ ୮ ଅନୁଯାୟୀ ସ୍ଥାବର ସମ୍ପତ୍ତି ନିମନ୍ତେ)
ନିମ୍ନ ସ୍ୱାକ୍ଷରକାରୀ **ୟୁକୋ ବ୍ୟାଙ୍କ, ଦଳାଇସାହି ଶାଖା**ର କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସିକ୍ୟୁରିଟାଇଜେସନ୍ ଆଣ୍ଡ୍ ରିକନ୍‌ଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ୍ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ (୨୦୦୨ର ନଂ.୫୪) ଏବଂ ଧାରା ୧୩ (୧୨) ଅନୁଯାୟୀ ପ୍ରଦତ୍ତ କ୍ଷମତା ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୩ ଅନୁସାରେ ନିମ୍ନଲିଖିତ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତାଙ୍କୁ କଥିତ ଆକ୍ଟର ଧାରା ୧୩(୨) ଅନୁସାରେ ଡିମାଣ୍ଡ ନୋଟିସ୍ ଜାରି କରାଯାଇ ନୋଟିସ୍ ମାଧ୍ୟମରେ ଦର୍ଶାଯାଇଥିବା ଅର୍ଥ ସହିତ ଚୁକ୍ତି ହାରରେ ସୁଧ ସହିତ ଆନୁସଙ୍ଗିକ ଖର୍ଚ୍ଚ ଏବଂ ଆଇନଗତ ଖର୍ଚ୍ଚ ନୋଟିସ୍ ପ୍ରାପ୍ତି ତାରିଖଠାରୁ **୬୦ ଦିନ** ମଧ୍ୟରେ ପଇଠ କରିବାକୁ କୁହାଯାଇଥିଲା। ଯେହେତୁ ଋଣଗ୍ରହୀତା ତାଙ୍କର ଦେୟ ପଇଠ କରିବାରେ ବିଫଳ ହେଲେ ତେଣୁ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା ଏବଂ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଅଛି କି ଉପର ବର୍ଣ୍ଣିତ ଆଇନର ଧାରା ୧୩(୪) ସହିତ କଥିତ ରୁଲ୍ସର ରୁଲ୍ ୮ ଅନୁସାରେ କ୍ଷମତାପ୍ରାପ୍ତ ଅଧିକାରୀ ନିମ୍ନରେ ବର୍ଣ୍ଣିତ ସମ୍ପତ୍ତିକୁ **ଦଖଲ** ନେଇଛନ୍ତି। ତେଣୁ ବିଶେଷକରି ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା ଏବଂ ସର୍ବସାଧାରଣଙ୍କୁ ଏତଦ୍‌ଦ୍ୱାରା ଜଣାଇ ଦିଆଯାଉଛି ଯେ, ନିମ୍ନଲିଖିତ ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିବେ ନାହିଁ ଅନ୍ୟଥା ସମ୍ପତ୍ତି ଉପରେ କୌଣସି ପ୍ରକାର କାରବାର ପାଇଁ **ୟୁକୋ ବ୍ୟାଙ୍କ, ଦଳାଇସାହି ଶାଖା** ନିକଟରେ ସମସ୍ତ ଦେୟ ସହିତ ସେବାବଦ ସୁଧ, ଆନୁସଙ୍ଗିକ ଖର୍ଚ୍ଚ ଏବଂ ଦେୟ ପାଇଁ ଉତ୍ତରଦାୟୀ ରହିବେ।

| ଦଳାଇସାହି ଶାଖା / ଋଣଗ୍ରହୀତା/ ଗ୍ୟାରେଣ୍ଟିଦାତାଙ୍କ ନାମ ଓ ଠିକଣା | ଧାର୍ଯ୍ୟ ତାରିଖ ସୁଦ୍ଧା ବକେୟା ରାଶିର ପରିମାଣ | ଡିମାଣ୍ଡ ନୋଟିସ୍ / ଦଖଲ ନୋଟିସ୍ ତାରିଖ | ସ୍ଥାବର ସମ୍ପତ୍ତିର ବିବରଣୀ |
|---|---|---|---|
| ଋଣଗ୍ରହୀତା: ଶେଖ ଅତାବୁର ରହେମାନ / ଗ୍ୟାରେଣ୍ଟିଦାତା: ରୋକିଆ ବେଗମ, ଉଭୟଙ୍କ ଠିକଣା- ସା: ଦଳାଇସାହି, ପୋ: ମାଣିକଗୋଡା, ଜିଲ୍ଲା: ଖୋର୍ଦ୍ଧା-୭୫୨୦୬୬ | ଟ.୧୨,୨୦,୫୨୪.୪୩ + ସେବାବଦ ପରବର୍ତ୍ତୀ ସୁଧ ଏବଂ ଅନ୍ୟାନ୍ୟ ଦେୟ | ୧୯.୧୨.୨୦୨୪ / ୨୮.୦୩.୨୦୨୫ | ଶେଖ ଅତାବୁର ରହେମାନଙ୍କ ନାମରେ ଥିବା ଜମି ଏବଂ ଗୃହର ସମସ୍ତ ଅଂଶବିଶେଷ ଯାହାର ସା/ମୌଜା: ଦଳାଇସାହି, ପୋ: ମାଣିକଗୋଡା, ଥାନା: ବୋଲଗଡ, ଜିଲ୍ଲା: ଖୋର୍ଦ୍ଧା-୭୫୨୦୬୬, ପ୍ଲଟ୍ ନଂ.: ୪୩୮/୨୫୯୨, ୪୩୭/୨୫୯୦, ୪୩୬/୨୫୯୧, ଖାତା ନଂ.: ୧୩୮୦/୨୧୫, |

କ୍ଷେତ୍ର: ୧୭୮୫.୯୬ ବର୍ଗଫୁଟ (ପ୍ଲିନ୍ଥ ଏରିଆ: ୧୨୭୦ ବର୍ଗଫୁଟ), ଏହାର ଚାରିପାର୍ଶ୍ୱରେ ଉତ୍ତର: ଲିଟିଫୁଲ ରହେମାନ, ଦକ୍ଷିଣ: ମୋଜବୁର ରହେମାନ, ପୂର୍ବ: ରାସ୍ତା, ପଶ୍ଚିମ: କମର ଜାନ ଖାନ୍
ସ୍ଥାନ: ଭୁବନେଶ୍ୱର, ତାରିଖ : ୦୨.୦୪.୨୦୨୫ — କ୍ଷମତାପ୍ରାପ୍ତ ଅଧିକାରୀ, ୟୁକୋ ବ୍ୟାଙ୍କ

# ପିଲାଙ୍କୁ ବିଦ୍ୟାଳୟମନସ୍କ କରିବ 'ଖଡ଼ିଛୁଆଁ'

**ଅସ୍ତରଙ୍ଗ/କାକଟପୁର/ପିପିଲି/ସାକ୍ଷୀଗୋପାଳ/ଚାରିଛକ,୨।୪ (ପ୍ରଦୀପ୍ତ କୁମାର ଦୀକ୍ଷିତ/ମମତା ଜେନା/ଶୁଭଦର୍ଶନ ମିଶ୍ର/ ଦୁର୍ଗାମାଧବ ମିଶ୍ର/ ପ୍ରଶାନ୍ତ କୁମାର ବାରିକ/କିଶୋର ମହାପାତ୍ର/ଶିଶିର ସ୍ୱାଇଁ)**





କାର୍ଯ୍ୟକ୍ରମରେ ଶିକ୍ଷୟିତ୍ରୀ ଶିକ୍ଷକଙ୍କ ସହ ପିଲାମାନେ। ବିଦ୍ୟାଳୟ ପକ୍ଷରୁ ବାହାରିଥିବା ଶୋଭାଯାତ୍ରା।

ରାଜ୍ୟ ସରକାରଙ୍କ ପକ୍ଷରୁ ଚଳିତବର୍ଷ ନୂତନ ଶିକ୍ଷାନୀତି ଆରମ୍ଭ ହୋଇଛି। ନୂତନ ଜାତୀୟ ଶିକ୍ଷାନୀତି ୨୦୨୦ ଅନୁଯାୟୀ, ସମସ୍ତ ପ୍ରାଥମିକ ବିଦ୍ୟାଳୟରେ ଶିଶୁଙ୍କୁ ଗୁଣାତ୍ମକ ଶିକ୍ଷା ପ୍ରଦାନ କରାଯିବ। ଏହି ଅବସରରେ ଅସ୍ତରଙ୍ଗ ବ୍ଲକ ମାଣ୍ଡୁକି ପଞ୍ଚାୟତରେ ଥିବା ସମସ୍ତ ପ୍ରାଥମିକ ବିଦ୍ୟାଳୟରେ ସରପଞ୍ଚ ରୋଜିନା ଜେନା ଅତିଥି ଭାବେ ଉପସ୍ଥିତ ରହି ଶିଶୁ ବାଟିକାରେ କୁନି ପିଲାମାନେ ସ୍କୁଲ ଆସିବାକୁ ସ୍ୱାଗତ କରିଛନ୍ତି। କାକଟପୁର ବ୍ଲକ ଅଧୀନ ପିଏମ୍ ଶ୍ରୀ କାକଟପୁର ସରକାରୀ ଉଚ୍ଚ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ଶ୍ରୀକାନ୍ତ କୁମାର ସ୍ୱାଇଁ, ସହ ଶିକ୍ଷକ ପ୍ରତାପ ରାଉତ, ପୀତବାସ ଦୀକ୍ଷିତ, ସରୋଜିନୀ ହାଂସଦା, ସତ୍ୟ ନାରାୟଣ ସେଠୀ, ହରିଶ ଚନ୍ଦ୍ର ଦଳାଇ ଓ ପ୍ରଗତି ପୃଷ୍ଟିଙ୍କ ଉପସ୍ଥିତିରେ ଖଡ଼ିଛୁଆଁ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅସ୍ତରଙ୍ଗ ମଣ୍ଡଳ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ବ୍ଲକ ପଡ଼ିଆରେ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷା ଆରତୀ ନାଏକ, ତହସିଲଦାର ପ୍ରିୟଙ୍କା ପ୍ରିୟଦର୍ଶନୀ ପତି, ମଣ୍ଡଳ ଶିକ୍ଷାଧିକାରୀ ଶ୍ରୀକାନ୍ତ କୁମାର ସ୍ୱାଇଁ, ଅସ୍ତରଙ୍ଗ ସରପଞ୍ଚ ରାମଚନ୍ଦ୍ର କାଣ୍ଡି, ସାମାଜିକ କର୍ମୀ ଦୁଷ୍ମନ୍ତ ପରିଡ଼ା, ଅସ୍ତରଙ୍ଗ ନୋଡାଲ ବିଦ୍ୟାଳୟର ପ୍ରଧାନଶିକ୍ଷକ ନିରଞ୍ଜନ ବେହେରା, ବେଗୁନିଆବସ୍ତ ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ପ୍ରଶାନ୍ତ ବରାଳ, ସାଧନ ସଂଯୋଜକ ସନ୍ତୋଷ ସ୍ୱାଇଁ ପ୍ରମୁଖ ଉପସ୍ଥିତ ରହି ପିଲାଙ୍କୁ ବିଦ୍ୟାଳୟ ପ୍ରତି ଆକୃଷ୍ଟ କରିବାକୁ 'ପ୍ରବେଶ ଉତ୍ସବ ଏବଂ ଖଡ଼ିଛୁଆଁ' କାର୍ଯ୍ୟକ୍ରମ ମଧ୍ୟ ଆୟୋଜନ କରାଯାଇଛି ବୋଲି ମତ ଦେଇଥିଲେ, ଯାହାକି ସେମାନଙ୍କ ନାମଲେଖା ଓ ସ୍କୁଲରେ ପ୍ରଥମ ଦିନକୁ ସ୍ମରଣୀୟ କରିବ। କାର୍ଯ୍ୟକ୍ରମରେ ସାଧନ ସଂଯୋଜକ ରବୀନ୍ଦ୍ର ପରିଡ଼ା, ତ୍ରିଲୋଚନ ବେହେରା ପ୍ରମୁଖ ଉପସ୍ଥିତ ଥିଲେ।

ପିପିଲି ଦରଜି ସାହି ପ୍ରକଳ୍ପ ପ୍ରାଥମିକ ବିଦ୍ୟାଳୟରେ ଶିଶୁ ବାଟିକା ଓ ପ୍ରଥମ ଶ୍ରେଣୀରେ ବିଭିନ୍ନ ଅଞ୍ଚଳର ୭ ଜଣ ଶିଶୁ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁରେ ପ୍ରବେଶ କରିଥିଲେ। ପ୍ରଧାନଶିକ୍ଷକ ହରିଶ ଚନ୍ଦ୍ର ପତି ଶିଶୁଙ୍କ ନାମଲେଖା କାର୍ଯ୍ୟ କରିଥିଲେ। ଏଥିରେ ଅଧ୍ୟକ୍ଷ ସେକ କଲିମ, ଚିନ୍ମୟୀ କୌତୁକୀ, ପ୍ରିୟଙ୍କା ବେହେରା, ଦୀପ୍ତିମୟୀ ମହାପାତ୍ର, ପ୍ରିୟଙ୍କା ପ୍ରିୟଦର୍ଶିନୀ ମହାପାତ୍ର, ସୀତାମଣି ମହାପାତ୍ର ଓ ସସ୍ମିତା ରାଉତ ପ୍ରମୁଖ କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ। କାଉନ୍ସିଲର ବଳରାମ ମହାପାତ୍ର ଓ ସାମାଜିକ କର୍ମୀ ଗୋପାଳ ମହାପାତ୍ର, ରାକେଶ ମହାପାତ୍ର କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ଗୋବିନ୍ଦପୁର କ୍ଲଷ୍ଟରର ସମସ୍ତ ସରକାରୀ ପ୍ରାଥମିକ ବିଦ୍ୟାଳୟରେ ସିଆର୍‌ସିସି ଚିନ୍ତାମଣି ଓଝାଙ୍କ ତତ୍ତ୍ୱାବଧାନରେ ଖଡ଼ିଛୁଆଁ ଓ ନୂତନ ନାମଲେଖା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ବିଦ୍ୟାଳୟ ପରିଚାଳନା କମିଟି ଅଧ୍ୟକ୍ଷ, ସଭ୍ୟାସଭ୍ୟ, ପ୍ରଧାନଶିକ୍ଷକ, ଶିକ୍ଷକ ଶିକ୍ଷୟିତ୍ରୀ, ମା'ମାନେ ସହଯୋଗ କରିଥିଲେ। ଶିଶୁ ବାଟିକା ଓ ପ୍ରଥମ ଶ୍ରେଣୀରେ ପିଲାମାନେ ନାମ ଲେଖାଇଥିଲେ। ସେମାନଙ୍କୁ ପାଠ୍ୟ ପୁସ୍ତକ ପ୍ରଦାନ, ଖଡ଼ିଛୁଆଁ କାର୍ଯ୍ୟକ୍ରମ ଏବଂ ମିଷ୍ଟାନ୍ନ ବଣ୍ଟନ କରାଯାଇଥିଲା।

ସତ୍ୟବାଦୀ ବ୍ଲକ ଶିକ୍ଷା ବିଭାଗ ପକ୍ଷରୁ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ–୨୦୨୫ ଶିଶୁ ବାଟିକା ନାମଲେଖା ଶୁଭାରମ୍ଭ ହୋଇଯାଇଛି। ଉତ୍ସବର ପ୍ରଥମ ଦିବସରେ ବ୍ଲକ୍‌ରେ ଥିବା ବିଭିନ୍ନ ବିଦ୍ୟାଳୟଗୁଡ଼ିକରେ ୨୫୦ ଛାତ୍ରୀଛାତ୍ର ନାମ ଲେଖାଇଛନ୍ତି। ବୀରଗୋବିନ୍ଦପୁର ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଆୟୋଜିତ ଉତ୍ସବ ସତ୍ୟବାଦୀ ବ୍ଲକ ଶିକ୍ଷାଧିକାରୀ ଭବମ ପ୍ରଧାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ଉତ୍ସବରେ ଅତିଥି ଭାବେ ଜିଲା ପରିଷଦ ସଭ୍ୟ ରତିକାନ୍ତ ମିଶ୍ର, ଜିଲା ପରିଷଦ ସଭ୍ୟା ବିଷ୍ଣୁପ୍ରିୟା ବରାଳ, ଏମ୍‌ପି ପ୍ରତିନିଧି ତ୍ରିଲୋଚନ ରଥ, ମହିଳା ଓ ଶିଶୁ ବିକାଶ କାର୍ଯ୍ୟାଳୟ ଅଧିକାରୀ ରାଜଲକ୍ଷ୍ମୀ ଦାସ, ଅତିରିକ୍ତ ବ୍ଲକ ଶିକ୍ଷାଧିକାରୀ ପ୍ରଭାସ ଚନ୍ଦ୍ର କରଣ, ସହ ଶିକ୍ଷାଧିକାରୀ କୁମୁଦୁନୀ ମିଶ୍ର, ବୀରଗୋବିନ୍ଦପୁର ନୋଡାଲ୍ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ଅମୃତା ମିଶ୍ର, ପରିଚାଳନା ସଭାପତି ବିନୟ କୁମାର ନନ୍ଦ, ଶିକ୍ଷୟିତ୍ରୀ ଅଳକା ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ ଆଜିଠାରୁ ଏକ ସୁସଜ୍ଜିତ ଶିକ୍ଷା ସଚେତନ ରଥ ଭ୍ରମଣ କରିବ ବୋଲି ବ୍ଲକ ଶିକ୍ଷାଧିକାରୀ ଭବମ ପ୍ରଧାନ ପ୍ରକାଶ କରିଛନ୍ତି।

ଚାରିଛକ ଅଞ୍ଚଳରେ ଥିବା ବାଲୁଙ୍କ ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ସିଦ୍ଧାନ୍ତ ଓଝାଙ୍କ ତତ୍ତ୍ୱାବଧାନରେ ଆଜି ବିଦ୍ୟାଳୟକୁ ଆସିଥିବା ଛାତ୍ରୀଛାତ୍ରମାନଙ୍କୁ ସ୍ୱାଗତ କରି ପିଲାମାନଙ୍କୁ ଫୁଲ ଚନ୍ଦନ ଦେଇ ଶ୍ରେଣୀଗୃହକୁପାଛୋଟିନେଇଥିଲେ।

## ଯୁବକଙ୍କୁ ପିଟି ପିଟି ହତ୍ୟା ଅଭିଯୋଗ

**ବ୍ରହ୍ମଗିରି, ୨।୪ (ସ୍ୱାଧିନ ଚମ୍ପତିରାୟ):** ବ୍ରହ୍ମଗିରି ଥାନା ଅଧୀନ ତିଅରପାରି ଗ୍ରାମରେ ମଙ୍ଗଳବାର ରାତିରେ ଜଣେ ଯୁବକଙ୍କୁ ପିଟି ପିଟି ହତ୍ୟା କରାଯାଇଥିବା ବ୍ରହ୍ମଗିରି ଥାନାରେ ଅଭିଯୋଗ ହୋଇଛି। ମୃତକଙ୍କ ପରିବରର ଅଭିଯୋଗ ମୁତାବକ, ତିଅରପାରିର ନକୁଳ ସାମଲଙ୍କୁ ଚୋରି ଅଭିଯୋଗରେ ସେହି ଗ୍ରାମର କେତେଜଣ ବ୍ୟକ୍ତି ମଙ୍ଗଳବାର ରାତିରେ ନିଧୁମ ପିଟିଥିଲେ। ଫଳରେ ତାଙ୍କ ମୃତ୍ୟୁ ହୋଇଥିଲା। ପରେ ମୃତଦେହ ନେଇ ତାଙ୍କ ଘର ଦୁଆରେ ବସିଥିବା ଅବସ୍ଥାରେ ରଖି ଦେଇଆସିଥିଲେ। ବୁଧବାର ସକାଳୁ ନକୁଳଙ୍କ ପରିବାର ତାଙ୍କ ମୃତଦେହ ଦେଖି ବ୍ରହ୍ମଗିରି ଥାନାରେ ଅଭିଯୋଗ କରିଥିଲେ। ପୋଲିସ ପହଞ୍ଚି ମୃତଦେହ ଜବତ କରିଛି। ଏନେଇ ନକୁଳଙ୍କ ପରିବାର ପକ୍ଷରୁ ବ୍ରହ୍ମଗିରି ଥାନାରେ ଲିଖିତ ଅଭିଯୋଗ ହୋଇଛି।

## ସିପିଆଇ(ଏମ୍) ପକ୍ଷରୁ ଲାଲ୍ ପତାକା ଉତ୍ତୋଳନ

**ପୁରୀ,୨।୪ (ଅଜିତ୍ କୁମାର ମହାନ୍ତି):** ଭାରତର କମ୍ୟୁନିଷ୍ଟ ପାର୍ଟି (ମାର୍କ୍ସବାଦୀ)ର ୨୪ତମ ସର୍ବଭାରତୀୟ ମହାଧିବେଶନ ତାମିଲନାଡୁର ମଦୁରାଇରେ ଏପ୍ରିଲ ୨ରୁ ୬ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେଉଛି। ପ୍ରତି ୩ ବର୍ଷରେ ଥରେ ପାର୍ଟିର ସର୍ବଭାରତୀୟ ମହାଧିବେଶନ ଅନୁଷ୍ଠିତ ହୋଇଥାଏ। ପାର୍ଟି ସଂଗଠନର ସର୍ବନିମ୍ନ ସ୍ତର ବ୍ରାଞ୍ଚରୁ ପ୍ରତିନିଧି ଗଣତାନ୍ତ୍ରିକ ପଦ୍ଧତିରେ ନିର୍ବାଚିତ ହୋଇଥାଆନ୍ତି ଏବଂ ପ୍ରତ୍ୟେକ ରାଜ୍ୟର ରାଜ୍ୟ ସମ୍ମିଳନୀ ପାର୍ଟି କଂଗ୍ରେସ ପାଇଁ ପ୍ରତିନିଧି ଚୟନ କରିଥାଆନ୍ତି। ଦେଶର ସବୁ ଅଞ୍ଚଳରେ ପାର୍ଟି ବ୍ରାଞ୍ଚ, ସ୍ଥାନୀୟ, ଜିଲା ଓ ରାଜ୍ୟ କାର୍ଯ୍ୟାଳୟରେ ଲାଲ ପତାକା ଉତ୍ତୋଳନ କରିବାକୁ କମିଟି ଡାକରା ଦେଇଥିଲା। ଏହି ପରିପ୍ରେକ୍ଷୀରେ ବୁଧବାର ପୁରୀ ଜିଲା କାର୍ଯ୍ୟାଳୟରେ ଜିଲା ଓ ଆଞ୍ଚଳିକ କମିଟିର ନେତୃତ୍ୱକାରୀମାନେ ଲାଲ ପତାକା ଉତ୍ତୋଳନ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ପାର୍ଟିର ନେତା ଆଇନଜୀବୀ ଗୋବିନ୍ଦ ନାୟକ ପତାକା ଉତ୍ତୋଳନ କରିଥିଲେ। ଜିଲା ସମ୍ପାଦକ ଜଗନ୍ନାଥ ଦେଓ, ଆଞ୍ଚଳିକ କମିଟି ସମ୍ପାଦକ ସୁରେନ୍ଦ୍ର ଜେନା, ଗୁନା ନାୟକ ଓ ସୁନିଲ ମହାରଣା ପ୍ରମୁଖ ଉପସ୍ଥିତ ଥିଲେ। ବିଭିନ୍ନ ସ୍ଥାନରେ ପତାକା ଉତ୍ତୋଳନ ହୋଇଥିବା ଜିଲା ସମ୍ପାଦକ ଜଗନ୍ନାଥ ଦେଓ ଜଣାଇଛନ୍ତି।

## ଗୋପବନ୍ଧୁ ଆୟୁର୍ବେଦ ମହାବିଦ୍ୟାଳୟକୁ ଜାତୀୟ ମାନ୍ୟତା ଦାବି

### ରାଷ୍ଟ୍ରପତିଙ୍କୁ ଚିଠି

**ପୁରୀ,୨।୪ (ଅଜିତ୍ କୁମାର ମହାନ୍ତି)**

ଗୋପବନ୍ଧୁ ଆୟୁର୍ବେଦ ମହାବିଦ୍ୟାଳୟକୁ ଜାତୀୟ ମାନ୍ୟତା ଦେବାକୁ ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ ରାଜ୍ୟ ଜିଜ୍ଞାସା ଆୟାମ ଦାବି କରିଛି। ଏ ନେଇ ଆୟାମ ପକ୍ଷରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଓ କେନ୍ଦ୍ର ଆୟୁଷ ମନ୍ତ୍ରୀ ପ୍ରତାପ ରାଓ ଯାଦବଙ୍କ ପରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ଚିଠି ଲେଖି ଅନୁରୋଧ କରାଯାଇଛି। ଗୋପବନ୍ଧୁ ଆୟୁର୍ବେଦ ମହାବିଦ୍ୟାଳୟ, ପୁରୀ ପୂର୍ବ ଭାରତର ସର୍ବପୁରାତନ ଏବଂ ଓଡ଼ିଶାର ପ୍ରଥମ ଆୟୁର୍ବେଦ ମହାବିଦ୍ୟାଳୟ। ଗତବର୍ଷ ଏହି ମହାବିଦ୍ୟାଳୟକୁ ୭୫ ବର୍ଷ ପୂରଣ ହୋଇଛି। ଗତ ଡିସେମ୍ବର ୪ରେ ପାଳନ ହୋଇଥିବା ପ୍ଲାଟିନମ୍ ଉତ୍ସବରେ ରାଷ୍ଟ୍ରପତି ଯୋଗଦେଇଥିଲେ। ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରଫେସର ଡା. ଅରୁଣ କୁମାର ଦାସ ଏହି ମହାବିଦ୍ୟାଳୟକୁ ଜାତୀୟ ମାନ୍ୟତା ଦେବା ନିମନ୍ତେ ରାଷ୍ଟ୍ରପତିଙ୍କ ଆଗରେ ଦାବିରଖିଥିଲେ। ଉତ୍ତମ ଡାକ୍ତରୀ ଶିକ୍ଷା ଓ ସ୍ୱାସ୍ଥ୍ୟସେବା ଯୋଗାଇଦେବାରେ ଏହି ମହାବିଦ୍ୟାଳୟ ସର୍ବାଗ୍ରେ। ସୂଚନାଯୋଗ୍ୟ, ଏହି ମହାବିଦ୍ୟାଳୟକୁ ଜାତୀୟ ମହାବିଦ୍ୟାଳୟରେ ପରିଣତ କରିବା ପାଇଁ ରାଜ୍ୟର ବିଭିନ୍ନ ଆୟୁର୍ବେଦ ଛାତ୍ର ସଂଗଠନ କେନ୍ଦ୍ର ସରକାରଙ୍କୁ ଜଣାଇଥିଲେ। ଯେତେବେଳେ ନୂତନ ଅନୁଷ୍ଠାନ ଗଠନ ଲାଗି ସରକାର ସ୍ଥିର କରିବେ, ସେତେବେଳେ ଏହା ବିଚାରକୁ ନେବେ ବୋଲି କେନ୍ଦ୍ର ସରକାର କହିଥିଲେ। ଗତ ଅଗଷ୍ଟ ୩୧ରେ କେନ୍ଦ୍ର ଆୟୁଷ ମନ୍ତ୍ରୀ ଆଗାମୀ ୫ ବର୍ଷରେ ୧୦ଟି କେନ୍ଦ୍ରୀୟ ଅନୁଷ୍ଠାନ ଗଠନ କରାଯିବାକୁ ଘୋଷଣା କଲା ପରେ ଏହାକୁ ନେଇ ସମ୍ଭାବନା ବଢ଼ିଛି ବୋଲି ରାଜ୍ୟ ଜିଜ୍ଞାସା ସଂଯୋଜକ ଗିରିଧାରୀ ବିଶ୍ୱାଳ କହିଛନ୍ତି।

## ଅଭିଭାବକମାନେ ବିଦ୍ୟାଳୟ ବିକାଶର ଆଧାର



ବୈଠକରେ ଉପସ୍ଥିତ ଅତିଥି।

**କୋଣାର୍କ,୨।୪ (ଜ୍ୟୋତିରାଜ ମହାନ୍ତି)**

ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ବିଭାଗ ଦ୍ୱାରା ପରିଚାଳିତ ସରକାରୀ ଉଚ୍ଚ ବିଦ୍ୟାଳୟରେ ଶୁକ୍ରବାର ଅଭିଭାବକ ସହଭାଗୀ ବୈଠକ ଅନୁଷ୍ଠିତ ହୋଇଯାଇଛି। ଏଥିରେ ପ୍ରଧାନ ଶିକ୍ଷକ ନୀହାର ପ୍ରସାଦ ଲେଙ୍କା ସଭାପତିତ୍ୱ କରିଥିଲେ। ଅତିଥି ଭାବେ ଆର୍ତ୍ତତ୍ରାଣ କାର୍ତ୍ତିକେଶ୍ୱର ବିଦ୍ୟାପୀଠର ପ୍ରଧାନ ଶିକ୍ଷକ ରାମକୃଷ୍ଣ ମହାନ୍ତି, ଗୋଷ୍ଠୀ ସାଧନ କେନ୍ଦ୍ର ସଂଯୋଜକ ତଥା ଶିକ୍ଷାବିତ୍ ରବୀନ୍ଦ୍ରନାଥ ବାହିନୀପତି, ସତ୍ୟସାଇ ସେବା ସଂଗଠନ ସମ୍ପାଦକ ବାମଦେବ ଆଲୁକ, କୋଣାର୍କ ସ୍ୱାସ୍ଥ୍ୟକେନ୍ଦ୍ରର ଆୟୁଷ ଡାକ୍ତର ବିଧୁଭୂଷଣ ନାୟକ, ବ୍ଲକ୍ ସମ୍ପ୍ରସାରଣ ଅଧିକାରୀ ଶ୍ରୀନିବାସ ମହାନ୍ତି ପ୍ରମୁଖ ଯୋଗଦେଇ ବିଦ୍ୟାଳୟର ପାରିପାର୍ଶ୍ୱିକ ଉନ୍ନୟନ, ଶୈକ୍ଷିକ ବାତାବରଣ ସୃଷ୍ଟି ଓ ଉନ୍ନତ ଶିକ୍ଷାଦାନର ମାର୍ଗ ପ୍ରଶସ୍ତ କରିବା ଦିଗରେ ଅଭିଭାବକମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି କହିଥିଲେ। ଶିକ୍ଷକ ସତ୍ୟସୁନ୍ଦର ମିଶ୍ର କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋକପାତ କରିଥିଲେ। ଶିକ୍ଷୟିତ୍ରୀ ନୟନା ଶତପଥୀ ଓ ଶିକ୍ଷକ ଭାଗୀରଥି ପାଇକରାୟ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ଛାତ୍ରୀଛାତ୍ରମାନେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। ଝୋଟି ଓ ରଙ୍ଗୋଲି ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ନବମ ଶ୍ରେଣୀ ଛାତ୍ର ରଚିତ ସେଠୀ ବାଲୁକା କଳା ପ୍ରଦର୍ଶନ କରିଥିଲେ। କାର୍ଯ୍ୟକ୍ରମକୁ ଶିକ୍ଷକ ଅର୍ଜୁନ ଦଳାଇ, ଗୌରୀଶଙ୍କର ଜେନା, ଶିକ୍ଷୟିତ୍ରୀ ସୁଲୋଚନା ବେହେରା, ଦୀପିକା ଜେନା, ଅମିୟା ପ୍ରିୟଦର୍ଶନୀ ଧାରୁଆ, ରୀତା କୁମାରୀ ବଡଗାଇଁଆ, ସିଲା ଭଞ୍ଜ, ବାସନ୍ତୀ ରାଉଳ, ବର୍ଷା ପ୍ରିୟଦର୍ଶିନୀ ରାଉତ ପ୍ରମୁଖ ପରିଚାଳନା କରିଥିଲେ।

## ଫଟୋ ଭାଇରାଲ ଧମକ ଦେଇ ନାବାଳିକାଙ୍କୁ ବଳାତ୍କାର

### ଅଭିଯୁକ୍ତ ଗିରଫ, ଅନ୍ୟ ଜଣେ ଫେରାର

**ବଳଙ୍ଗା,୨।୪ (କେଦାରେଶ୍ୱର ନନ୍ଦ)**

ପୁରୀ ଜିଲା ବଳଙ୍ଗା ଥାନା ଅଞ୍ଚଳର ଜଣେ ଯୁବକଙ୍କୁ ଅଶ୍ଳୀଳ ଫଟୋ ଭାଇରାଲ ଧମକ ଦେଇ ନାବାଳିକାଙ୍କୁ ବଳାତ୍କାର କରିବା ଅଭିଯୋଗରେ ପୋଲିସ ଗିରଫ କରିଛି। ଡାକ୍ତରୀମାଇନା ପରେ ଅଭିଯୁକ୍ତଙ୍କୁ ପୁରୀ ସ୍ୱତନ୍ତ୍ର ପୋକ୍‌ସୋ କୋର୍ଟ ଚାଲାଣ କରାଯାଇଥିଲା। ତେବେ ଜାମିନ ନାମଞ୍ଜୁର ହେବାରୁ ତାଙ୍କୁ ପୁରୀଜେଲକୁ ପଠାଇ ଦିଆଯାଇଛି। ଗିରଫ ଅଭିଯୁକ୍ତ ହେଲେ ନିଲୁ ବେହେରା(୨୬)। ଅନ୍ୟ ଅଭିଯୁକ୍ତ ଦୀପକ ବେହେରା ଫେରାର ଥିବା ଜଣାପଡ଼ିଛି। ଅନ୍ୟପଟେ ପୋଲିସ ୧୬୪ ଧାରାରେ ନାବାଳିକାଙ୍କ ବୟାନ ରେକର୍ଡ କରି ତଦନ୍ତ ଜାରିରଖିଛି।

ଅଭିଯୋଗ ଅନୁଯାୟୀ, ବଳଙ୍ଗା ଥାନା ଅଞ୍ଚଳର ଜଣେ ନାବାଳିକା ତାଙ୍କ ସମ୍ପର୍କୀୟ ମାମୁଙ୍କ ଘରେ ରହି ପାଠ ପଢୁଥିଲେ। ସମ୍ପର୍କୀୟ ମାମୁ ପୁଅ ମୋବାଇଲ୍‌ରେ ତାଙ୍କର କିଛି ଆପତ୍ତିଜନକ ଫଟୋ ଉଠାଇଥିଲେ। ପରବର୍ତ୍ତୀ ସମୟରେ ସେହି ଫଟୋ ଅଭିଯୁକ୍ତ ନିଲୁଙ୍କୁ ଦେଇଥିଲେ। ଅଭିଯୁକ୍ତ ନିଜ ମୋବାଇଲକୁ ଫଟୋ ନେଇଯାଇ ପରେ ସେଗୁଡ଼ିକୁ ନାବାଳିକାଙ୍କ ମୋବାଇଲ୍‌କୁ ପଠାଇବା ସହ ତାଙ୍କୁ ବ୍ଲାକ୍‌ମେଲ କରିଥିଲେ। ଏପରିକି ନାବାଳିକାଙ୍କୁ ଏକ ଘରକୁ ଡାକି ଧାରୁଆ ଛୁରି ବେକରେ ଲଗାଇ ଧମକ ଦେଇ ଉଲଗ୍ନ କରି ଫଟୋ ଉଠାଇବା ସହ ବଳାତ୍କାର କରିଥିଲେ। ଶେଷରେ ନାବାଳିକା ଅତିଷ୍ଠ ହୋଇ ମାମୁଙ୍କ ପରିବାର ଲୋକଙ୍କୁ ଜଣାଇଥିଲେ। ନାବାଳିକାଙ୍କ ଆଈ ଏ ସଂକ୍ରାନ୍ତରେ ବଳଙ୍ଗା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଥାନାରେ ପୋକ୍‌ସୋ ଆକ୍ଟରେ ଏକ କେସ୍ (ନଂ. ୬୪/୨୫) ରୁଜୁ ହୋଇଥିଲା।

## ଭିଣୋଇଙ୍କୁ ଖଣ୍ଡାରେ ହାଣି ହତ୍ୟା

**ବାଲିପାଟଣା,୨।୪(ଅଭିମନ୍ୟୁ ନାୟକ)**

ଖୋର୍ଦ୍ଧା ଜିଲା ବାଲିପାଟଣା ଥାନା ଅଧୀନ ନରଦା ବଜାରରେ ବୁଧବାର ସନ୍ଧ୍ୟାରେ ଜଣେ ବ୍ୟକ୍ତି ତାଙ୍କ ଭିଣୋଇଙ୍କୁ ଖଣ୍ଡାରେ ହାଣି ହତ୍ୟା କରିଛନ୍ତି। ମୃତକ ହେଲେ ପୁରୀ ଜିଲା ନିମାପଡ଼ା ଥାନା ଅଧୀନ ରେଂଘାଳ ଗାଁର ସେକ ମୁସ୍ତାକ ଅଲ୍ଲୀ । ପୋଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ଅଭିଯୁକ୍ତଙ୍କୁ ଅଟକ ରଖି ତଦନ୍ତ ଚଳାଇଛି।

ଅଭିଯୋଗ ଅନୁଯାୟୀ, ସେକ ମୁସ୍ତାକ ଅଲ୍ଲୀ ନରଦା ବଜାରସ୍ଥିତ ତାଙ୍କ ବଡ଼ ଶଳା ମୀର ତୟା ଅଲ୍ଲୀଙ୍କ ପାନ ଦୋକାନରେ ବସିଥିଲେ। ଏହି ସମୟରେ ସାନ ଶଳା ମୀର ସୟଦ ଅଲ୍ଲୀ ହଠାତ୍ ପହଞ୍ଚି ଭିଣୋଇଙ୍କ ବେକକୁ ଏକ ଖଣ୍ଡାରେ ହାଣି ଦେଇଥିଲେ। ଭିଣୋଇଙ୍କୁ ବଞ୍ଚାଇବାକୁ ବଡ଼ ଶଳା ଚେଷ୍ଟା କଲାବେଳେ ମୀର ସୟଦ ତାଙ୍କୁ ମଧ୍ୟ ଆକ୍ରମଣ କରିବାକୁ ଗୋଡ଼ାଇଥିଲେ। ତେବେ ସେ ଦୋକାନ ଭିତରେ ପଶିଯିବାରୁ ବର୍ତ୍ତିଯାଇଥିଲେ। ଘଟଣା ଘଟାଇ ମୀର ସୟଦ ସେଠାରୁ ଦୌଡ଼ି ପଳାଉଥିବାବେଳେ ବାଗଲପୁରଠାରେ ସ୍ଥାନୀୟ ଲୋକେ ତାଙ୍କୁ କାବୁ କରି ପୋଲିସ ଜିମା ଦେଇଛନ୍ତି।

ଏ ସଂକ୍ରାନ୍ତରେ ଅଭିଯୁକ୍ତ ମୀର ସୟଦ କହିଛନ୍ତି, 'ଆମ ସ୍ୱାମୀ ସ୍ତ୍ରୀଙ୍କ ମଧ୍ୟରେ ଥିବା ମନୋମାଳିନ୍ୟକୁ ଭିଣୋଇ ସମାଧାନ କରିବା ପରିବର୍ତ୍ତେ ସ୍ତ୍ରୀଙ୍କୁ ଶିଖାଇ ବିଶୃଙ୍ଖଳା ସୃଷ୍ଟି କରୁଥିଲେ। ସନ୍ଧ୍ୟାରେ ତାଙ୍କୁ ସାମ୍ନାରେ ଦେଖିଦେବାରୁ ମୋ ମୁଣ୍ଡକୁ ପିତ୍ତ ଚଢିଗଲା, ମୁଁ ତାଙ୍କୁ ହାଣିଦେଲି।'


କାନରା ବ୍ୟାଙ୍କ Canara Bank
ସିଣ୍ଡିକେଟ Syndicate
କ୍ଷେତ୍ରୀୟ କାର୍ଯ୍ୟାଳୟ: କଟକ
**ସଂଶୋଧନ ପତ୍ର**
ତା.୩୦.୦୩.୨୦୨୫ରିଖ ଦୈନିକ ଖବର କାଗଜ ଧରିତ୍ରୀରେ ପ୍ରକାଶିତ ଆମ୍ଭର "ଡିମାଣ୍ଡ ନୋଟିସ୍"ରେ ଋଣଗ୍ରହୀତା: ମେସର୍ସ ଖୁସି ଏଣ୍ଟରପ୍ରାଇଜେସ୍‌ର ଆକାଉଣ୍ଟ ନିମନ୍ତେ ଦର୍ଶିତ ଶାଖାର ନାମ "ପଢାମୁଣ୍ଡାଇ ଶାଖା" ପରିବର୍ତ୍ତେ "ରାହାମା ଶାଖା" ପଢ଼ିବାକୁ ଅନୁରୋଧ। ଅନ୍ୟାନ୍ୟ ସମସ୍ତ ତଥ୍ୟ ଅପରିବର୍ତ୍ତିତ ରହିବ।
ତା.୦୨.୦୪.୨୦୨୫ / କ୍ଷମତାପ୍ରାପ୍ତ ଅଧିକାରୀ


## ଶିକ୍ଷକଙ୍କ ବଦଳି ନେଇ ବିଇଓଙ୍କୁ ଘେରାଉ



ଗ୍ରାମବାସୀ ବ୍ଲକ୍ ଶିକ୍ଷା ଅଧିକାରୀଙ୍କୁ ଘେରିଛନ୍ତି।

**ପିପିଲି,୨।୪(ପ୍ରଭାତ କୁମାର ମହାପାତ୍ର/ଦୁର୍ଗାମାଧବ ମିଶ୍ର)**

ଅଚାନକ ଶିକ୍ଷକଙ୍କ ବଦଳି ନେଇ ଗ୍ରାମବାସୀ ବ୍ଲକ୍ ଶିକ୍ଷାଧିକାରୀଙ୍କୁ ଘେରିଛନ୍ତି। ତୁରନ୍ତ ଶିକ୍ଷକ ନିଯୁକ୍ତିକରି ସମସ୍ୟାର ସମାଧାନକରନ୍ତୁ ବୋଲି ଦାବି କରିଥିଲେ। ୭ଦିନ ଭିତରେ ଦାବିପୂରଣ ନ ହେଲେ ଆନ୍ଦୋଳନ କରାଯିବ ବୋଲି କଡ଼ା ଚେତାବନୀ ଦେଇଛନ୍ତି ଗ୍ରାମବାସୀ।

ପିପିଲି ବ୍ଲକ୍ ତେଇଶିପୁର ପୋଡ଼ଙ୍ଗ ଗ୍ରାମରେ ଥିବା ପ୍ରକଳ୍ପ ଉ.ପ୍ରା. ବିଦ୍ୟାଳୟର ଶିକ୍ଷକ ଶ୍ରୀଧର ପ୍ରଧାନଙ୍କୁ ଅଚାନକ ଅନ୍ୟତ୍ର ବଦଳି କରାଯାଇଛି। ଉକ୍ତ ବିଦ୍ୟାଳୟରେ ୨ଶହ ପାଖାପାଖି ଛାତ୍ରୀଛାତ୍ର ପଢୁଥିବା ବେଳେ ଶିକ୍ଷକ ନିଯୁକ୍ତି ପରିବର୍ତ୍ତେ ମଙ୍ଗଳବାର ଅଚାନକ ଶିକ୍ଷକଙ୍କ ବଦଳିକୁ ନେଇ ଗ୍ରାମବାସୀ କ୍ଷୋଭ ପ୍ରକାଶ କରିଛନ୍ତି। ଉକ୍ତ ବିଦ୍ୟାଳୟରେ ବିନା ପ୍ରଧାନ ଶିକ୍ଷକଙ୍କ ନିଯୁକ୍ତିରେ ୬ଜଣ ଶିକ୍ଷୟିତ୍ରୀ ଶିକ୍ଷକଙ୍କୁ ନେଇ ଚାଲିଛି ଶିକ୍ଷା ବ୍ୟବସ୍ଥା। ଯେଉଁ ବିଦ୍ୟାଳୟରେ ଶିକ୍ଷକଙ୍କ ନିଯୁକ୍ତି ଆବଶ୍ୟକତା ଥିବାବେଳେ କାହା ଚାପରେ ଶିକ୍ଷକ ବଦଳି କରାଯାଇଛି ଏହାକୁ ନେଇ ପାଲଟା ପ୍ରଶ୍ନ କରିଛନ୍ତି ଗ୍ରାମବାସୀ। ଗତ ୩ବର୍ଷ ମଧ୍ୟରେ ଉକ୍ତ ବିଦ୍ୟାଳୟରୁ ୨ ଜଣ ଶିକ୍ଷକ ଅନ୍ୟତ୍ର ବଦଳିକୁ ନେଇ କ୍ଷୋଭ ପ୍ରକାଶ କରିଛନ୍ତି ଜିଲା ପରିଷଦ ସଭ୍ୟ ଧରଣୀଧର ସାହୁ। ଶିକ୍ଷା ବ୍ୟବସ୍ଥାରେ ରାଜନୀତୀକରଣ ନ ହୋଇ ଶିକ୍ଷକ ନିଯୁକ୍ତି କରିବାକୁ ସେ ଦାବି କରିଛନ୍ତି। ଅନ୍ୟପଟେ ଦାବିପୂରଣ ନ ହେଲେ ବିଇଓ କାର୍ଯ୍ୟାଳୟ ଘେରାଉ କରାଯିବ ବୋଲି କଡ଼ା ଚେତାବନୀ ଦେଇଛନ୍ତି ବିଦ୍ୟାଳୟ ପରିଚାଳନା କମିଟି ସଭାପତି ମଙ୍ଗୁଳି ବେହେରା। ସେପଟେ ବିଦ୍ୟାଳୟ ସମସ୍ୟା କଥା ସ୍ୱୀକାର କରି ତୁରନ୍ତ ସମାଧାନ କରାଯିବ ବୋଲି ବ୍ଲକ ଶିକ୍ଷା ଅଧିକାରୀ ରବୀନ୍ଦ୍ର ନାଥ ନନ୍ଦ ଗ୍ରାମବାସୀଙ୍କୁ ପ୍ରତିଶ୍ରୁତି ଦେଇଛନ୍ତି।


**GOVERNMENT OF ODISHA**
**DEPARTMENT OF WATER RESOURCES**
**OFFICE OF THE ADDITIONAL CHIEF ENGINEER**
**CENTRAL IRRIGATION CIRCLE, BHUBANESWAR**
**'e' Procurement Notice No. ACECIC - 19/2024-25**
No.A-1250

| Procurement Officer | Bid Identification No. | Name of Work | Cost of Work (Rs. in Lakhs) | Bid Security (Rs.) E.M.D. | Cost of Bid documents (Rs.) | Class of Contractor | Bid documents available online for bidding | | Date of opening of Technical Bid | Period of completion of work |
|---|---|---|---|---|---|---|---|---|---|---|
| | | | | | | | From | To | | |
| ACE, CIC, BHUBANESWAR | NGR-09/2024-25 | Cement Concrete Lining in Right Distributary of Kuanria Irrigation Project from RD.11.00 Km to 18.20 Km | 834.63 | 834700/- (Online) | 10000/- (Online) | "A" & "Special" Class | 05.04.2025 At 10.00 Hours | 19.04.2025 At 17.00 Hours | 21.04.2025 At 11.00 Hours | 18 (Eighteen Calendar Month) |

e-mail ID : secic_dowr@yahoo.com
Further details conditions can be seen from Govt. website www.tenderorissa.gov.in
Sd./- Additional Chief Engineer, Central Irrigation Circle
OIPR-32160/11/0023/2425


## ସିପିଆଇ କର୍ମୀଙ୍କ ବିକ୍ଷୋଭ ପ୍ରଦର୍ଶନ

**ନିମାପଡ଼ା,୨।୪ (ବିଚିତ୍ରାନନ୍ଦ ସାହୁ)**



ସିପିଆଇ ପକ୍ଷରୁ ବିକ୍ଷୋଭ ପ୍ରଦର୍ଶନ କରାଯାଉଛି।

ଭାରତୀୟ କମ୍ୟୁନିଷ୍ଟ ପାର୍ଟି (ସିପିଆଇ) ପୁରୀ ଜିଲା କମିଟି ପକ୍ଷରୁ ୬ଦଫା ଦାବିରେ ଶତାଧିକ ସିପିଆଇ କର୍ମୀ ବୁଧବାର ନିମାପଡ଼ା ବିଦ୍ୟୁତ୍ ଉପଖଣ୍ଡ ଦିଘାଳୋସ୍ଥିତ କାର୍ଯ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। କର୍ମୀମାନେ ବିଭିନ୍ନ ନାରାବାଜି କରିବା ସହ ଗଣଧାରଣାରେ ବସିଥିଲେ। ଜନବିରୋଧୀ ପ୍ରି-ପେଡ୍ ସ୍ମାର୍ଟ ମିଟର ସଂଯୋଗ ବନ୍ଦ କରାଯିବା, ଓଡ଼ିଆ ଭାଷାରେ ବିଦ୍ୟୁତ୍ ବିଲ୍ ପ୍ରଦାନ କରାଯିବା, କୃଷିକ୍ଷେତ୍ରକୁ ମାଗଣା ବିଦ୍ୟୁତ୍ ସଂଯୋଗ ଯୋଗାଇଦେବା, ନିର୍ବାଚନ ପ୍ରତିଶ୍ରୁତି ଅନୁଯାୟୀ ପ୍ରତି ବିଦ୍ୟୁତ୍ ଉପଭୋକ୍ତାମାନଙ୍କୁ ମାସକୁ ୩୦୦ ୟୁନିଟ୍ ବିଦ୍ୟୁତ୍ ବିଲ୍ ଛାଡ଼ କରାଯିବା, ଓଇଆର୍‌ସି ଏବଂ ଟାଟା କମ୍ପାନୀର ବିଦ୍ୟୁତ୍ ଗ୍ରାହକଙ୍କୁ ଶୋଷଣ ବନ୍ଦ କରାଯିବା ଆଦି ଦାବି ନେଇ ଏହି ଆନ୍ଦୋଳନ ଅନୁଷ୍ଠିତ ହୋଇଥିଲା। ଏହି ଅବସରରେ ପାର୍ଟି ପକ୍ଷରୁ ୬ଦଫା ସମ୍ବଳିତ ଏକ ଦାବିପତ୍ର ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ବିଦ୍ୟୁତ୍ ବିଭାଗ ନିର୍ବାହୀ ଯନ୍ତ୍ରୀ ଇଂ. ବିଶ୍ୱରଞ୍ଜନ ବେହେରାଙ୍କୁ ପ୍ରଦାନ କରାଯାଇଥିଲା। ସିପିଆଇ ପୁରୀ ଜିଲା ସମ୍ପାଦକ କୃଷ୍ଣଚନ୍ଦ୍ର ରାଉତ, ରାଜ୍ୟ କାର୍ଯ୍ୟକାରୀ କମିଟି ସଭ୍ୟ ଦେବେନ୍ଦ୍ର ନାଥ ସାହୁ, ପ୍ରଦୀପ୍ତ ମହାନ୍ତି, ବରିଷ୍ଠ ନେତା ପ୍ରଫୁଲ୍ଲ ସାହୁ, ସନ୍ତୋଷ ବେହେରା, ବିପିନ ରାଉତ, ଗୋଲେଖ ନାୟକ, ପ୍ରସନ୍ନ ଦାସ, ସୁରେଶ ବିଶ୍ୱାଳ ପ୍ରମୁଖଙ୍କ ନେତୃତ୍ୱରେ ଏହି ଆନ୍ଦୋଳନ ଅନୁଷ୍ଠିତ ହୋଇଥିଲା। ପୁରୀ ଜିଲାର ବିଭିନ୍ନ ବ୍ଲକରୁ ଶତାଧିକ ଦଳୀୟ କର୍ମୀ ଏହି ଆନ୍ଦୋଳନରେ ସାମିଲ ହୋଇଥିଲେ।


**ୟୁକୋ ବ୍ୟାଙ୍କ**
ଆଞ୍ଚଳିକ କାର୍ଯ୍ୟାଳୟ, ୟୁକୋ ବ୍ୟାଙ୍କ ବିଲ୍ଡିଂ, ୨ୟ ମହଲା, ସି-୨, ଅଶୋକ ନଗର, ଭୁବନେଶ୍ୱର-୭୫୧୦୦୯, ଫୋନ୍: ୦୬୭୪-୨୬୨୦୪୨୩
**ଦଖଲ ନୋଟିସ୍**
ସ୍ଥାବର ସମ୍ପତ୍ତି ନିମନ୍ତେ

(ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନ୍‌ଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ର ଧାରା ୧୩ (୪) ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ)ରୁଲ୍ସ ୨୦୦୨ର ରୁଲ୍ ୮ ଅନୁଯାୟୀ ସ୍ଥାବର ସମ୍ପତ୍ତି ନିମନ୍ତେ)

ନିମ୍ନ ସ୍ୱାକ୍ଷରକାରୀ **ୟୁକୋ ବ୍ୟାଙ୍କ, ଦଳାଇସାହି ଶାଖାର** କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନ୍‌ଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ (୨୦୦୨ର ନଂ.୫୪) ଏବଂ ଧାରା ୧୩ (୧୨) ଅନୁଯାୟୀ ପ୍ରଦତ୍ତ କ୍ଷମତା ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୩ ଅନୁସାରେ ନିମ୍ନଲିଖିତ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତାଙ୍କୁ କଥିତ ଆକ୍ଟର ଧାରା ୧୩(୨) ଅନୁସାରେ ଡିମାଣ୍ଡ ନୋଟିସ୍ ଜାରି କରାଯାଇ ନୋଟିସ୍ ମାଧ୍ୟମରେ ଦର୍ଶାଯାଇଥିବା ଅର୍ଥ ସହିତ ଚୁକ୍ତି ହାରରେ ସୁଧ ସହିତ ଆନୁସଙ୍ଗିକ ଖର୍ଚ୍ଚ ଏବଂ ଆଇନଗତ ଖର୍ଚ୍ଚ ନୋଟିସ୍ ପ୍ରାପ୍ତି ତାରିଖଠାରୁ **୬୦ ଦିନ** ମଧ୍ୟରେ ପଇଠ କରିବାକୁ କୁହାଯାଇଥିଲା। ଯେହେତୁ ଋଣଗ୍ରହୀତା ତାଙ୍କର ଦେୟ ପଇଠ କରିବାରେ ବିଫଳ ହେଲେ ତେଣୁ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା ଏବଂ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଅଛି କି ଉପର ବର୍ଣ୍ଣିତ ଆଇନର ଧାରା ୧୩(୪) ସହିତ କଥିତ ରୁଲ୍ସର ରୁଲ୍ ୮ ଅନୁସାରେ କ୍ଷମତାପ୍ରାପ୍ତ ଅଧିକାରୀ ନିମ୍ନରେ ବର୍ଣ୍ଣିତ ସମ୍ପତ୍ତିକୁ **ଦଖଲ** ନେଇଛନ୍ତି। ତେଣୁ ବିଶେଷକରି ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା ଏବଂ ସର୍ବସାଧାରଣଙ୍କୁ ଏତଦ୍‌ଦ୍ୱାରା ଜଣାଇ ଦିଆଯାଉଛି ଯେ, ନିମ୍ନଲିଖିତ ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିବେ ନାହିଁ ଅନ୍ୟଥା ସମ୍ପତ୍ତି ଉପରେ କୌଣସି ପ୍ରକାର କାରବାର ପାଇଁ **ୟୁକୋ ବ୍ୟାଙ୍କ, ଦଳାଇସାହି ଶାଖା** ନିକଟରେ ସମସ୍ତ ଦେୟ ସହିତ ସେବାବଦ ସୁଧ, ଆନୁସଙ୍ଗିକ ଖର୍ଚ୍ଚ ଏବଂ ଦେୟ ପାଇଁ ଉତ୍ତରଦାୟୀ ରହିବେ।

| ଦଳାଇସାହି ଶାଖା / ଋଣଗ୍ରହୀତା/ ଗ୍ୟାରେଣ୍ଟିଦାତାଙ୍କ ନାମ ଓ ଠିକଣା | ଧାର୍ଯ୍ୟ ତାରିଖ ସୁଦ୍ଧା ବକେୟା ରାଶିର ପରିମାଣ | ଡିମାଣ୍ଡ ନୋଟିସ୍ / ଦଖଲ ନୋଟିସ୍ ତାରିଖ | ସ୍ଥାବର ସମ୍ପତ୍ତିର ବିବରଣୀ |
|---|---|---|---|
| ଋଣଗ୍ରହୀତା: ଶେଖ ଅତାବୁର ରହେମାନ / ଗ୍ୟାରେଣ୍ଟିଦାତା: ରୋକିଆ ବେଗମ, ଉଭୟଙ୍କ ଠିକଣା- ସା: ଦଳାଇସାହି, ପୋ: ମାଣିକଗୋଡା, ଜିଲ୍ଲା: ଖୋର୍ଦ୍ଧା-୭୫୨୦୬୬ | ଟ.୧୨,୨୦,୫୨୪.୪୩ + ସେବାବଦ ପରବର୍ତ୍ତୀ ସୁଧ ଏବଂ ଅନ୍ୟାନ୍ୟ ଦେୟ | ୧୯.୧୨.୨୦୨୪ / ୨୮.୦୩.୨୦୨୫ | ଶେଖ ଅତାବୁର ରହେମାନଙ୍କ ନାମରେ ଥିବା ଜମି ଏବଂ ଗୃହର ସମସ୍ତ ଅଂଶବିଶେଷ ଯାହାର ସା/ମୌଜା: ଦଳାଇସାହି, ପୋ: ମାଣିକଗୋଡା, ଥାନା: ବୋଲଗଡ, ଜିଲ୍ଲା: ଖୋର୍ଦ୍ଧା-୭୫୨୦୬୬, ପ୍ଲଟ୍ ନଂ.: ୪୩୮/୨୫୯୨, ୪୩୭/୨୫୯୦, ୪୩୬/୨୫୯୧, ଖାତା ନଂ.: ୧୩୮୦/୨୧୫, |

କ୍ଷେତ୍ର: ୧୭୮୫.୯୬ ବର୍ଗଫୁଟ (ପ୍ଲିନ୍ଥ ଏରିଆ: ୧୨୭୦ ବର୍ଗଫୁଟ), ଏହାର ଚାରିପାର୍ଶ୍ୱରେ ଉତ୍ତର: ଲିଟିଫୁଲ ରହେମାନ, ଦକ୍ଷିଣ: ମୋଜବୁର ରହେମାନ, ପୂର୍ବ: ରାସ୍ତା, ପଶ୍ଚିମ: କମର ଜାନ ଖାନ୍
ସ୍ଥାନ: ଭୁବନେଶ୍ୱର, ତାରିଖ : ୦୨.୦୪.୨୦୨୫ — କ୍ଷମତାପ୍ରାପ୍ତ ଅଧିକାରୀ, ୟୁକୋ ବ୍ୟାଙ୍କ

# ସ୍ୱତନ୍ତ୍ର ଶ୍ରୀମନ୍ଦିର ସୁରକ୍ଷା ବାହିନୀ ପାଇଁ ଚୟନ ପ୍ରକ୍ରିୟା ଆରମ୍ଭ

ପୁରୀ,୨।୪(ଅଜିତ୍ କୁମାର ମହାନ୍ତି)

■ନିଯୁକ୍ତ ହେବେ ୧୨ଶହରୁ ଉର୍ଦ୍ଧ୍ୱ ସୁରକ୍ଷା କର୍ମଚାରୀ
■ଉଚ୍ଚାରଣ, ଆଚରଣ ପ୍ରତି ଦୃଷ୍ଟି ଦେବାକୁ ସେବାୟତଙ୍କ ଦାବି

ଶ୍ରୀମନ୍ଦିରରେ ଦର୍ଶନ ଶୃଙ୍ଖଳା ଓ ସୁରକ୍ଷା ପାଇଁ ଅଣ୍ଟା ଭିଡ଼ିଛନ୍ତି ରାଜ୍ୟ ସରକାର। ସ୍ୱତନ୍ତ୍ର ଶ୍ରୀମନ୍ଦିର ସୁରକ୍ଷା ବାହିନୀ ପାଇଁ ବୁଧବାରଠାରୁ ଚୟନ ପ୍ରକ୍ରିୟା ଆରମ୍ଭ ହୋଇଛି। ୯ ତାରିଖ ପର୍ଯ୍ୟନ୍ତ ଚୟନ ପ୍ରକ୍ରିୟା ଚାଲିବ। ୫ ପର୍ଯ୍ୟାୟରେ ଚୟନ ଶିବିରରେ ଯୋଗଦେବେ ୧୭୨ ଅଫିସର, ୧୪୯୯ ସିପାହୀ ଓ ହାବିଲଦାର। ଏ ସଂକ୍ରାନ୍ତରେ ଗୃହ ବିଭାଗର ବିଜ୍ଞପ୍ତି ପ୍ରକାଶ ପାଇବା ପରେ ଚୟନ ପ୍ରକ୍ରିୟା ଆରମ୍ଭ ହୋଇଛି। ରାଜ୍ୟ ସଶସ୍ତ୍ର କ୍ୟାଡର୍‌ର ଜଣେ କମାଣ୍ଡାଣ୍ଟ, ଦୁଇଜଣ ଡେପୁଟି କମାଣ୍ଡାଣ୍ଟ, ଜଣେ ଆସିଷ୍ଟାଣ୍ଟ କମାଣ୍ଡାଣ୍ଟ, ୮ ଇନ୍ସପେକ୍ଟର, ୩୧ ସବ୍‌ଇନ୍ସପେକ୍ଟର,୨୪ ଆସିଷ୍ଟାଣ୍ଟ ସବ୍‌ଇନ୍ସପେକ୍ଟର ନିଯୁକ୍ତ ହେବେ। ସଶସ୍ତ୍ର ପୋଲିସ୍ ବାଟାଲିୟନର ଅଭିଜ୍ଞ ପୋଲିସଙ୍କୁ ୩ ବର୍ଷ ପାଇଁ ଡେପୁଟେଶନରେ ଅଣାଯିବ। ବ୍ୟାରିକେଡିଂଠାରୁ ଆରମ୍ଭକରି ନୀତି ଅନୁଯାୟୀ ଦର୍ଶନ ଶୃଙ୍ଖଳାରେ ନିୟୋଜିତ ହେବେ ସ୍ୱତନ୍ତ୍ର ଶ୍ରୀମନ୍ଦିର ସୁରକ୍ଷା ବାହିନୀ।

ଶ୍ରୀମନ୍ଦିର ସୁରକ୍ଷା ପାଇଁ ସ୍ୱତନ୍ତ୍ର ବାଟାଲିୟନ ଗଠନ ଲାଗି ଗତ ଦୁଇବର୍ଷ ତଳେ ଯୋଜନା ହୋଇଥିବାବେଳେ ତାହା କାଗଜପତ୍ରରେ ସୀମିତ ରହିଥିଲା। ଏବେ ବିଜ୍ଞପ୍ତି ଓ ଚୟନ ପ୍ରକ୍ରିୟା ପରେ ନୂଆ ଆଶା ସଞ୍ଚାର ହୋଇଛି। ଆଣ୍ଟି ଟେରୋରିଷ୍ଟ ଅପରେଶନ ସହ ଶୃଙ୍ଖଳିତ ଦର୍ଶନ ଉପରେ ଗୁରୁତ୍ୱ, ଶ୍ରୀଗୁଣ୍ଡିଚା ମନ୍ଦିର, ପରିକ୍ରମା ପ୍ରକଳ୍ପ, ମାଉସୀ ମା' ମନ୍ଦିର ସୁରକ୍ଷା ଦାୟିତ୍ୱରେ ନିୟୋଜିତ ହେବେ ଏହି ସଶସ୍ତ୍ର ସୁରକ୍ଷା ବାହିନୀ। ୧୦୮୩ ଜଣଙ୍କୁ ନିଯୁକ୍ତି ଦେବାକୁ ପୂର୍ବରୁ ଯୋଜନା ହୋଇଥିଲେ ହେଁ ଏବେ ଏହି ସଂଖ୍ୟା ୧୨ ଶହରୁ ଉର୍ଦ୍ଧ୍ୱ ହେବ ବୋଲି ଜଣାପଡ଼ିଛି। ନୀତି ଅନୁଯାୟୀ ଦର୍ଶନ ଶୃଙ୍ଖଳା ଓ ବ୍ୟାରିକେଡିଂ ଭିତରେ ଭକ୍ତଙ୍କୁ ବ୍ୟବସ୍ଥିତ କରାଇବା, ଉତ୍ତମ ଆଚରଣ ପ୍ରଦର୍ଶନ ସହ ଭକ୍ତଙ୍କୁ ସୁରକ୍ଷା ଯୋଗାଇବା ପ୍ରାଥମିକ ଦାୟିତ୍ୱ ରହିବ। ତେବେ ସେମାନଙ୍କୁ ଉଚ୍ଚମାନର ପ୍ରଶିକ୍ଷଣ ଦେବାକୁ ଦାବି ହେଉଛି। ଆଚରଣ, ଉଚ୍ଚାରଣ ସହ ଶ୍ରୀମନ୍ଦିର ନୀରିକାନ୍ତି, ବ୍ୟବସ୍ଥା, ପରମ୍ପରା ଉପରେ ଏମାନଙ୍କୁ ଜ୍ଞାନ ଦେବା ପାଇଁ ଅନେକ ସେବାୟତ ଦାବି କରିଛନ୍ତି। ବରିଷ୍ଠ ସେବାୟତ ହଜୁରୀ କୃଷ୍ଣଚନ୍ଦ୍ର ଖୁଣ୍ଟିଆ କହିଛନ୍ତି, ଶ୍ରୀମନ୍ଦିର ପାଇଁ ସ୍ୱତନ୍ତ୍ର ବାଟାଲିୟନ ପ୍ରତିଷ୍ଠା ହେବା ନେଇ ଗତ ୩-୪ ବର୍ଷ ହେଲା ଶୁଣିଆସୁଥିଲୁ। ପୂର୍ବ ସରକାର ଦେଇଥିବା ପ୍ରତିଶ୍ରୁତି ଭାଜପା ସରକାର ପୂରଣ କରିଛନ୍ତି। ଯେଉଁମାନେ ନିଯୁକ୍ତି ହେବେ ସେମାନଙ୍କର କଥାବର୍ତ୍ତା ମାର୍ଜିତ ହେବା ଆବଶ୍ୟକ। ସେହିପରି ପୂର୍ବତନ ନଗରପାଳ ତଥା ବରିଷ୍ଠ ସେବାୟତ ଗୌରହରି ପ୍ରଧାନ କହିଛନ୍ତି, ସ୍ୱତନ୍ତ୍ର ବାଟାଲିୟନ ଗଠନ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ। ଯେଉଁମାନେ ଚୟନ ହେବେ, ସେମାନେ ଯାତ୍ରୀ ଓ ଭକ୍ତଙ୍କୁ ଭଲ ମନୋଭାବରେ ସେବା ଯୋଗାଇବା ଆବଶ୍ୟକ। ଅନ୍ୟପକ୍ଷରେ ଜିଲାପାଳ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ କହିଛନ୍ତି, ସରକାରଙ୍କ ତରଫରୁ ନୋଟିଫିକେଶନ ବାହାରିଥିଲା। ଜିଲା ଆରକ୍ଷୀ ଅଧିକ୍ଷକଙ୍କ ତତ୍ତ୍ୱାବଧାନରେ ବୁଧବାରଠାରୁ ଇଣ୍ଟରଭ୍ୟୁ ଆରମ୍ଭ ହୋଇଛି। ଚୟନ ପରେ ସେମାନଙ୍କୁ ନିଯୁକ୍ତ କରାଯିବ। ବାଟାଲିୟନ ସ୍ଥାପନ ନିମନ୍ତେ ସ୍ୱତନ୍ତ୍ର ସ୍ଥାନ ଚିହ୍ନଟ କରାଯାଇଛି।



## ଶ୍ରୀମନ୍ଦିର ହୁଣ୍ଡିରୁ ଆୟ

୨।୪।୨୦୨୫

| | |
|---|---|
| ୪,୬୭,୯୭୩ ଟଙ୍କା | |
| ସୁନା | ୫୦୦ ମିଲିଗ୍ରାମ୍ |
| ରୁପା | ୧୯.୨୦୦ ଗ୍ରାମ୍ |

## ୪ରେ ପ୍ରତିବାଦ ସହ ବିଧାନସଭା ଘେରିବ ପିଏଚ୍‌ଆଇଇଭି

ଭୁବନେଶ୍ୱର,୨।୪(ସୁଚିସ୍ମିତା ସାହୁ): ଭିନ୍ନକ୍ଷମ ଅନ୍ତର୍ନିବେସୀ ଶିକ୍ଷା ସ୍ୱେଚ୍ଛାସେବୀ(ପିଏଚ୍‌ଆଇଇଭି)ଙ୍କୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ସ୍ଥାୟୀ ନିଯୁକ୍ତି ଦିଆଯାଉ। ସମସ୍ତ ଭିନ୍ନକ୍ଷମ ଆଇଇଭିଙ୍କୁ ସିଏଲ୍, ଇଏଲ୍, ଏସିଏଲ୍ ଓ ମାତୃତ୍ୱ ଛୁଟି ଦିଆଯାଉ। ଏଥିସହ ମାସିକ ୩୦ ହଜାର ଟଙ୍କା ପ୍ରଦାନ କରାଯାଉ ବୋଲି ସୋମବାର ସାମ୍ବାଦିକ ଭବନଠାରେ ଅନୁଷ୍ଠିତ ଖବରଦାତା ସମ୍ମିଳନୀରେ ଭିନ୍ନକ୍ଷମ ଅନ୍ତର୍ନିବେସୀ ଶିକ୍ଷା ସ୍ୱେଚ୍ଛାସେବୀ ସଂଘ ସଭାପତି ପ୍ରତାପ ଚନ୍ଦ୍ର ସ୍ୱାଇଁ ଦାବି କରିଛନ୍ତି। ରାଜ୍ୟ ସରକାର ଦାବି ପୂରଣ ପାଇଁ କୌଣସି ପଦକ୍ଷେପ ଗ୍ରହଣ ନ କଲେ ଏପ୍ରିଲ ୪ରେ ରାଜରାସ୍ତାରେ ପ୍ରତିବାଦ ସହ ବିଧାନସଭା ଘେରାଉ କରାଯିବ ବୋଲି ସଂଘ ପକ୍ଷରୁ ଚେତାବନୀ ଦିଆଯାଇଛି। ଭିନ୍ନକ୍ଷମ ଅନ୍ତର୍ନିବେସୀ ଶିକ୍ଷା ସ୍ୱେଚ୍ଛାସେବୀମାନେ ଦୀର୍ଘ ୧୪ ବର୍ଷ ଧରି ୬ରୁ ୧୪ ବର୍ଷ ବୟସ ଭିନ୍ନକ୍ଷମ ପିଲାଙ୍କୁ ପାଠପଢ଼ାଉଛନ୍ତି। ପ୍ରତିଦିନ ୨ଟି ଭିନ୍ନକ୍ଷମ ପିଲାଙ୍କୁ ଘରେ ପାଠପଢ଼ାଇବା ସହିତ ୨ଟି ବିଦ୍ୟାଳୟକୁ ଯାଇ ସାଧାରଣ ପିଲାଙ୍କ ସହ ପାଠପଢ଼ାଉଛନ୍ତି। ତେବେ ମାସିକ ୧୦ ହଜାର ଟଙ୍କା ଦରମାରେ ଜଣେ ଅସ୍ଥାୟୀ ଭିନ୍ନକ୍ଷମ ଆଇଇଭିଙ୍କ ଚଳିବା କଷ୍ଟଦାୟକ ହୋଇଯାଉଛି। ଦରଦାମ ବୃଦ୍ଧି ହେଉଥିବାରୁ ଏତେ କମ୍ ଟଙ୍କାରେ ଚଳିବା ସମ୍ଭବ ହେଉନାହିଁ। ତେଣୁ ସରକାର ସେମାନଙ୍କ ସମସ୍ୟା ବୁଝିବା ଦରକାର ବୋଲି ସଭାପତି ପ୍ରତାପ କହିଛନ୍ତି।



ତକ୍‌ତକ୍ ଖରାରେ ଭୁବନେଶ୍ୱର ଉପକଣ୍ଠ ଏକ ସୂର୍ଯ୍ୟମୁଖୀ କ୍ଷେତ ଝଟକୁଛି। (ଫଟୋ: ବିକାଶ ନାୟକ)

## ବିଦ୍ୟୁତ୍ ସଂସ୍ପର୍ଶରେ ଆସି ଯୁବକ ମୃତ

ବେଗୁନିଆ,୨।୪(ସନ୍ଧ୍ୟାରାଣୀ ମିଶ୍ର)

ବିଦ୍ୟୁତ୍ ସଂସ୍ପର୍ଶରେ ଆସି ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି। ସେ ହେଲେ ବେଗୁନିଆସ୍ଥିତ କସ୍ତୁରୀ ସାହୁଙ୍କ ବଡ଼ପୁଅ ତୋଫାନ ସାହୁ(୪୬)। ଏନେଇ ପୋଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଥିବା ଥାନା ଅଧିକାରୀ ଜ୍ୟୋତି ପ୍ରକାଶ ପଣ୍ଡା କହିଛନ୍ତି। କସ୍ତୁରୀଙ୍କ ସ୍ତ୍ରୀଙ୍କ ମୃତ୍ୟୁକୁ ୩ ଦିନ ହୋଇଥିବାବେଳେ ବଡ଼ପୁଅ ତୋଫାନ ଘର ଲିପୁଥିବା ସମୟରେ ବିଦ୍ୟୁତ୍ ସଂସ୍ପର୍ଶରେ ଆସି ଗୁରୁତର ଆହତ ହୋଇଥିଲେ। ପରିବାର ଲୋକେ ତାଙ୍କୁ ସଙ୍ଗେ ସଙ୍ଗେ ଖୋର୍ଦ୍ଧା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ। ସେଠାରେ ଡ଼ାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

## ମଣି ତ୍ରିଭୁବନରେ ଓଡ଼ିଶା ଦିବସ

ଭୁବନେଶ୍ୱର,୨।୪(ସୁଚିସ୍ମିତା ସାହୁ): ପଟିଆସ୍ଥିତ ମଣି ତ୍ରିଭୁବନଠାରେ ଓଡ଼ିଶା ଦିବସ ପାଳିତ ହୋଇଯାଇଛି। ମାନସ ରଞ୍ଜନ ପଟ୍ଟନାୟକଙ୍କ ସଭାପତିତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସମ୍ପାଦକ ଦିଲ୍ଲୀପ ରାଉତ ଓଡ଼ିଶା ଦିବସର ମହାତ୍ମ୍ୟ ବିଷୟରେ ଆଲୋକପାତ କରିଥିଲେ। ମୁଖ୍ୟବକ୍ତା ଭାବେ ସାହିତ୍ୟିକ ରାଜ୍ୟ ବର୍ଦ୍ଧନ ଧଳ ମହାପାତ୍ର ଓଡ଼ିଶା କିପରି ସ୍ୱତନ୍ତ୍ର ପ୍ରଦେଶ ଗଠନ ହୋଇଥିଲା ଓ ଦେଶବିଦେଶରେ ଓଡ଼ିଶାର ସ୍ୱତନ୍ତ୍ର ପରିଚୟ ସମ୍ପର୍କରେ କହିଥିଲେ। ଏହି ଅବସରରେ ସାଂସ୍କୃତିକ କାର୍ଯ୍ୟକ୍ରମରେ ଓଡ଼ିଶୀ, ସମ୍ବଲପୁରୀ, ଦେଶାତ୍ମବୋଧକ ସଙ୍ଗୀତ ଓ ନୃତ୍ୟ ପରିବେଷଣ ହୋଇଥିଲା। କାର୍ଯ୍ୟକ୍ରମକୁ ମନୋଜ ମହାପାତ୍ର ପରିଚାଳନା କରିଥିଲେ।

# ଗ୍ରାମ୍ୟ ନିର୍ମାଣ(ପିଏଚ୍) ଡିଭିଜନର ସହକାରୀ ଯନ୍ତ୍ରୀ ଗିରଫ

ଭୁବନେଶ୍ୱର,୨।୪
(ସୂର୍ଯ୍ୟକାନ୍ତ ବେହେରା)

**ଠିକାଦାରଙ୍କଠାରୁ ଲକ୍ଷେ ଟଙ୍କା ଲାଞ୍ଚ ନେବାବେଳେ ଧରିଲା ଭିଜିଲାନ୍ସ**

ବିଲ୍ ପାଇଁ ଠିକାଦାରଙ୍କଠାରୁ ୧ଲକ୍ଷ ଲାଞ୍ଚ ବେଳେ ବୁଧବାର ଭିଜିଲାନ୍ସ ହାତରେ ଧରାପଡିଛନ୍ତି ଭୁବନେଶ୍ୱର ଗ୍ରାମ୍ୟ ନିର୍ମାଣ(ପିଏଚ୍) ଡିଭିଜନର ସହକାରୀ ଯନ୍ତ୍ରୀ ନରେଶ କୁମାର ଦାସ। ତାଙ୍କଠାରୁ ଲାଞ୍ଚ ଟଙ୍କା ସହ ମୋଟ ୨ ଲକ୍ଷ ୨୬ ହଜାର ଟଙ୍କା ଜବତ କରାଯାଇଛି। ପରେ ଭୁବନେଶ୍ୱରସ୍ଥିତ ତାଙ୍କ ସରକାରୀ କାର୍ଯ୍ୟାଳୟ, ଚନ୍ଦ୍ରଶେଖରପୁରସ୍ଥିତ ତାଙ୍କ ବାସଭବନ, ଅନୁଗୋଳ ତୁରାଙ୍ଗସ୍ଥିତ ଶୀତଳ ବିହାର ଓ ପାଲଲହଡାରେ ଥିବା ପୈତୃକ ଘର ଆଦି ବିଭିନ୍ନ ସ୍ଥାନରେ ଭିଜିଲାନ୍ସ ଟିମ୍ ଚଢ଼ାଉ କରିଥିଲା। ବିଳମ୍ବିତ ରାତି ପର୍ଯ୍ୟନ୍ତ ଚଢ଼ାଉ ଓ ପଚରାଉଚରା ଜାରି ରହିଥିବାବେଳେ ବିପୁଳ ସମ୍ପତ୍ତି ଠାବ କରିଥିବା ସୂଚନା ମିଳିଛି। ଏନେଇ ଭୁବନେଶ୍ୱର ଭିଜିଲାନ୍ସ ଥାନାରେ କେସ୍ ନମ୍ବର ୫/୨୦୨୫ ରୁଜୁ କରାଯାଇ ନରେଶଙ୍କୁ ଗିରଫ କରାଯାଇଛି। ଗୁରୁବାର ତାଙ୍କୁ କୋର୍ଟ ଚାଲାଣ କରାଯିବ ବୋଲି ଭିଜିଲାନ୍ସ ପକ୍ଷରୁ ସୂଚନା ଦିଆଯାଇଛି। ସୂଚନାନୁସାରେ, ଏହି ଡିଭିଜନ ଅଧୀନରେ ଠିକାଦାର ଅଜୟ ଦାସ ୩ଟି କାମ କରିଥିଲେ। ହେଲେ କାମ ବାବଦକୁ ୭ ଲକ୍ଷ ଟଙ୍କାର ବିଲ୍ ବକେୟା ରହିଥିଲା। ଏହାକୁ କ୍ଲିୟର କରିବା ପାଇଁ ଠିକାଦାର ଅଜୟ ସହକାରୀ ଯନ୍ତ୍ରୀ ନରେଶଙ୍କ ପାଖକୁ ଯାଇଥିଲେ। ହେଲେ ସେ ଲକ୍ଷେ ଟଙ୍କା ଦାବି କରିଥିଲେ। ଟଙ୍କା ନ ପାଇବାରୁ ଯନ୍ତ୍ରୀ ଜଣକ ବିଲ୍ ନ କରି ନାନା ହଇରାଣ କରୁଥିଲେ। ବାରମ୍ବାର ଦୌଡ଼ି ନିରାଶ ହେବା ପରେ ଠିକାଦାର ଅଜୟ ସହକାରୀ ଯନ୍ତ୍ରୀଙ୍କ ବିରୋଧରେ ଭିଜିଲାନ୍ସରେ ଅଭିଯୋଗ କରିଥିଲେ। ଭିଜିଲାନ୍ସ ଟିମ୍ ତାଙ୍କୁ ଧରିବା ପାଇଁ ଜାଲ ବିଛାଇଥିଲା। ଯୋଜନା ଅନୁସାରେ, ଠିକାଦାର ଜଣକ ଯନ୍ତ୍ରୀଙ୍କ କାର୍ଯ୍ୟାଳୟକୁ ଯାଇ ତାଙ୍କୁ ଦାବି ମୁତାବକ ଲାଞ୍ଚ ଟଙ୍କା ଦେଉଥିବାବେଳେ ପୂର୍ବରୁ ପସ୍ତୁତ ହୋଇ ରହିଥିବା ଭିଜିଲାନ୍ସ ଟିମ୍ ତାଙ୍କୁ ଟଙ୍କା ସହ ଧରିବାରେ ସଫଳ ହୋଇଥିଲା। ଭିଜିଲାନ୍ସ ଅଧିକାରୀମାନେ ଯନ୍ତ୍ରୀ ନରେଶଙ୍କ ହାତରୁ ୧ଲକ୍ଷ ଲାଞ୍ଚ ଟଙ୍କା ଓ ପକେଟରୁ ନଗଦ ୧.୨୬ ଲକ୍ଷ ଟଙ୍କା ଜବତ କରିଥିଲେ। ତେବେ ପକେଟରେ ଥିବା ଟଙ୍କା କୁଆଡୁ ଆସିଲା, ତାହାକୁ ନେଇ ମଧ୍ୟ ଭିଜିଲାନ୍ସ ଖୋଳତାଡ଼ ଚଳାଇଛି।




ଗିରଫ ସହକାରୀ ଯନ୍ତ୍ରୀ ନରେଶ କୁମାର ଦାସ ଓ ଜବତ ଟଙ୍କା।

ସେଲ୍‌ଫି କର୍ଣ୍ଣର ଧରିତ୍ରୀ DHARITRI
ଆମକୁ ପଠାନ୍ତୁ ଆପଣଙ୍କ ସେଲ୍‌ଫି
metroselfie@gmail.com



@ ଅସିତ୍



@ ବଳରାମ



@ ନରେଶ



@ ସୂର୍ଯ୍ୟମଣି

ସେଲ୍‌ଫି ପଠାଇବା ସମୟରେ ନିଜର ନାମ ଏବଂ ମୋବାଇଲ ନମ୍ବର ଦେବାକୁ ଭୁଲନ୍ତୁ ନାହିଁ। ଯୋଗ୍ୟବିବେଚିତ ଫଟୋ ପ୍ରକାଶ ପାଇବ।

# ତାପସଙ୍କ ୧୧ ଫ୍ଲାଟ୍, ଜମି ଆଟାଚ୍

ଭୁବନେଶ୍ୱର,୨।୪(ସତ୍ୟଜିତ୍ ରାଉତ)

**ଡଙ୍କାରୀ ପାହାଡ଼ ଦୁର୍ନୀତି ମାମଲା**

■ବୈଧ ଲାଇସେନ୍ସ ନ ଥାଇ ୨୦୦ କୋଟିର କଳାପଥର ଲୁଟ୍ କରିଥିଲେ
■ଫେକ୍ ଇନ୍‌କମ୍ ଟ୍ୟାକ୍ସ ଏବଂ ଜିଏସ୍‌ଟି ରିଟର୍ନ ଦାଖଲ କରି ଭୁଆଁ ବୁଲାଉଥିଲେ

ଯାଜପୁର ଜିଲା ଧର୍ମଶାଳା ତହସିଲ ଅଧୀନ ଡଙ୍କାରୀ ପାହାଡ଼ରେ କଳାପଥର ଖାଦାନ ଦୁର୍ନୀତି ମାମଲାରେ ଆୟକର ବିଭାଗ କାର୍ଯ୍ୟାନୁଷ୍ଠାନ ନେଇଛି। ଏହି ମାମଲାର ମାଷ୍ଟରମାଇଣ୍ଡ ତାପସ ରଞ୍ଜନ ପଣ୍ଡାଙ୍କ ବେନାମୀ ସମ୍ପତ୍ତିକୁ ଆୟକର ବିଭାଗ ଆଟାଚ୍ କରିଥିବା ବୁଧବାର ସୂଚନା ଦେଇଛି। ଏହି ସମ୍ପତ୍ତି ମଧ୍ୟରେ ଭୁବନେଶ୍ୱରସ୍ଥିତ ଘାଟିକିଆ ଓ କଳିଙ୍ଗନଗରରେ ୧୦ଟି ଫ୍ଲାଟ୍ ଥିବାବେଳେ କଟକ ଜିଲା ଆଠଗଡ଼ରେ ଗୋଟିଏ ୧୧.୨ ଏକର ପରିମିତ ଜମି ରହିଛି। ଆୟକର ବିଭାଗ(ଆଇଟି)ର ଭୁବନେଶ୍ୱରସ୍ଥିତ ବେନାମୀ ପ୍ରୋହିବିଶନ୍ ୟୁନିଟ୍ ଏସବୁ ସମ୍ପତ୍ତିକୁ ଆଟାଚ୍ କରି କାର୍ଯ୍ୟାନୁଷ୍ଠାନ ନେଇଛି।

ଆଇଟି ବିଭାଗ ଦ୍ୱାରା ମିଳିଥିବା ସୂଚନା ଅନୁଯାୟୀ, ଏହି ସମ୍ପତ୍ତିଗୁଡ଼ିକ ପ୍ରଥମେ ଦୁଇଟି ବେନାମୀ ସଂସ୍ଥା ଏମ୍/ଏସ୍ ବ୍ରୁଜିମ୍ ଇନ୍‌ଫ୍ରାକେଟ୍ ପ୍ରାଇଭେଟ ଲିଃ ଏବଂ ଏମ୍/ଏସ୍ ଟୁ ଏଡ୍ ଫାଉଣ୍ଡେଶନ ନାମରେ ଅଧିଗ୍ରହଣ କରାଯାଇଥିଲା, ଯାହା ତାପସ ତାଙ୍କ ସମ୍ପର୍କୀୟ ଓ କର୍ମଚାରୀଙ୍କ ଦ୍ୱାରା ପରିଚାଳନା ଓ ନିୟନ୍ତ୍ରଣ କରୁଥିଲେ। ତାପସ ଦୀର୍ଘଦିନ ପର୍ଯ୍ୟନ୍ତ ଡଙ୍କାରୀ ପାହାଡ଼ରେ ଅବୈଧ ଓ ଅନଧିକୃତ ପଥର ଖଣି କାର୍ଯ୍ୟରେ ଲିପ୍ତ ଥିଲେ। ୨୦୧୪ରୁ ତାପସ ପଥର ଖାଦାନ ପାଇଁ କୌଣସି ଖଣି ଲାଇସେନ୍ସ ପାଇ ନ ଥିବା ଧର୍ମଶାଳା ତହସିଲ ପକ୍ଷରୁ ଆଇଟି ବିଭାଗ ଜାଣିବାକୁ ପାଇଥିଲା। ୨୦୨୨ ଜୁନ୍‌ରେ ଆଇଟି ବିଭାଗ ଦ୍ୱାରା ଚଢ଼ାଉ ଓ ଯାଞ୍ଚରେ ଏନେଇ ପ୍ରମାଣ ମିଳିଥିଲା। ଏହି ପାହାଡ଼ରୁ ତାପସ ପ୍ରାୟ ୨୦୦ କୋଟି ଟଙ୍କାର ପଥର ଏବଂ ପଥର ସାମଗ୍ରୀ ବିଭିନ୍ନ ଲୋକଙ୍କୁ ବିକ୍ରି କରିଥିଲେ। ତେବେ ବିକ୍ରିରୁ ମିଳିଥିବା ଅର୍ଥକୁ ତାଙ୍କ ବେନାମୀ କମ୍ପାନୀଗୁଡ଼ିକୁ ପଠାଯାଇଥିଲା। ସେହି ଅର୍ଥରେ ଭଦ୍ରକ, କଟକ, ଭୁବନେଶ୍ୱରରେ ଜମି କିଣାଯାଇଥିଲା। ଏଥିସହ ଭୁବନେଶ୍ୱର, ଗୁରଗାଓଁ, ଗାଜିଆବାଦ ଆଦି ସ୍ଥାନରେ ବିଭିନ୍ନ ଆପାର୍ଟମେଣ୍ଟରେ ଫ୍ଲାଟ ମଧ୍ୟ କିଣାଯାଇଥିଲା। ପରେ ଏହି ବେନାମୀ ସମ୍ପତ୍ତିଗୁଡ଼ିକ ତାପସ ଓ ତାଙ୍କ ସ୍ତ୍ରୀଙ୍କ ନାମକୁ ପୁନଃସ୍ଥାନାନ୍ତର କରାଯାଇଥିଲା। ଏପରିକି ତାପସ ଏହି ସମ୍ପତ୍ତିକୁ ବୈଧ କରିବା ପାଇଁ ଫେକ୍ ଇନକମ୍ ଟ୍ୟାକ୍ସ ଏବଂ ଜିଏସ୍‌ଟି ରିଟର୍ନ ଦାଖଲ କରି ନକଲି ବିଲିଂ ବ୍ୟବହାର କରୁଥିଲେ। ତେବେ ସମ୍ପତ୍ତି ଆଟାଚ୍ ହୋଇଥିବାବେଳେ କୋଲକାତାସ୍ଥିତ ଆଡ୍‌ଜୁଡିକେଟିଂ ଅଥରିଟି ଏନେଇ ନିଷ୍ପତ୍ତି ନେବେ ବୋଲି ଆଇଟି ବିଭାଗ ପକ୍ଷରୁ କୁହାଯାଇଛି।

# ସ୍ମୃତି ପାଲଟିଛି ଓଡ଼ିଆ ଘରର ପରିଚୟ 'ଶଗଡ଼'

ଭୁବନେଶ୍ୱର,୨।୪
(ସୌମ୍ୟରଞ୍ଜନ ରାଉତ)

ଗଞ୍ଜାମ ଖଲ୍ଲିକୋଟଗଡ଼ର 'ମାଗୁଣି' ଦିନେ ଓଡ଼ିଶାର ଘରେ ଘରେ ପରିଚିତ ଥିଲେ। ମାଗୁଣି କୌଣସି ରାଜା କି ସାହୁକାର ନ ଥିଲେ, ମୁଣ୍ଡ ଝାଳ ତୁଣ୍ଡେ ମାରି ନିଜ ପେଟ ଚାଖଣ୍ଡକ ପାଇଁ ଜୀବନ ପଥରେ ଲଢ଼େଇ କରୁଥିବା ଜଣେ ଶଗଡ଼ିଆ। ପାହାଡ଼ କଡ଼େ କଡ଼େ ତା' ଶଗଡ଼ ପ୍ରତିଦିନ ରାତି ପାହିଲାରୁ ରାତି ହେଲା ଯାଏ ଗାଁରୁ ଷ୍ଟେଶନ ଗଡୁଥିଲା। କାଳିଆ-କସରା ବଳଦ ତା' ସୁଖଦୁଃଖର ସାଥୀ ଥିଲେ। ଦିନ ଆସିଲା ଖଲ୍ଲିକୋଟଗଡ଼ରେ ମୋଟର ଗାଡ଼ି ପଶିଲା। ଏକାବେଳକେ ୨୦ରୁ ଅଧିକ ଲୋକଙ୍କୁ ନେଇ କ୍ଷଣରେ ଗାଁରୁ ଷ୍ଟେଶନ ବୋହି ନେଇଯାଉଥିବା ଏହି ଗାଡି ପାଇଁ ମାଗୁଣିର ଶଗଡ଼ ଗଡ଼ିବା ଧୀରେ ଧୀରେ ବନ୍ଦ ହୋଇଗଲା। ପ୍ରଖ୍ୟାତ ଗାଳ୍ପିକ ଗୋଦାବରୀଶ ମହାପାତ୍ରଙ୍କ ଏହି ବହୁଚର୍ଚ୍ଚିତ କ୍ଷୁଦ୍ର ଗଳ୍ପ 'ମାଗୁଣିର ଶଗଡ଼' ପରି ଓଡ଼ିଆର ପରିଚୟ ସାଜିଥିବା ଶଗଡ଼ ଗାଡ଼ି ଆଜି ସ୍ମୃତି ପାଲଟିଯିବାକୁ ବସିଛି। ପୂର୍ବରୁ ଲୋକଙ୍କ ଯାତାୟାତଠାରୁ ଆରମ୍ଭ କରି ଜିନିଷପତ୍ର ପରିବହନରେ ଶଗଡ଼ ଗାଡ଼ି ବ୍ୟବହାର ହେଉଥିଲା। ଦିନ ଥିଲା ଅଧିକାଂଶ ସମ୍ଭ୍ରାନ୍ତ ଶ୍ରେଣୀର ଲୋକେ ଶଗଡ଼ ଗାଡ଼ି ଚଢୁଥିଲେ। ଏଥିପାଇଁ ସ୍ୱତନ୍ତ୍ର ଭାବେ ଶଗଡ଼ ତିଆରି ହେଉଥିଲା। ପରବର୍ତ୍ତୀ ସମୟରେ ଏହାକୁ ସବୁ ବର୍ଗର ଲୋକେ ବ୍ୟବହାର କଲେ। କାଳକ୍ରମେ ମୋଟର ଯାନ ପ୍ରବେଶ ଫଳରେ ଶଗଡ଼ ଗାଡ଼ି କେବଳ ଚାଷ କାମରେ ବ୍ୟବହାର ହେଲା। ସମ୍ପୂର୍ଣ୍ଣ ପ୍ରଦୂଷଣମୁକ୍ତ ତଥା ପରିବେଶ ଉପଯୋଗୀ ଏହି ଶଗଡ଼ ଗାଡ଼ି ଦୀର୍ଘଦିନ ଧରି ବିଲରୁ ବାରିକୁ ଫସଲ ବୋହିବା ସହ ଗାଁରୁ ସହର, ବଜାରରେ ବିଭିନ୍ନ ଜିନିଷପତ୍ର ବୋହୁଥିଲା। ଧୀରେ ଧୀରେ ଟ୍ରାକ୍ଟରର ବହୁଳ ବ୍ୟବହାର ପରେ ଶଗଡ଼ ମଧ୍ୟ ହଜିଗଲା। ଆଧୁନିକ ଜ୍ଞାନ କୌଶଳର ଉଦ୍ଭାବନ ସହ ପରିବର୍ତ୍ତିତ ଜୀବନଶୈଳୀ ଯୋଗୁ ଶଗଡ଼ ଅଲୋଡ଼ା ହୋଇପଡ଼ିଛି। ଏବେ ଶଗଡ଼ ବ୍ୟବହାର ସମ୍ପୂର୍ଣ୍ଣ ବନ୍ଦ ହୋଇଯାଇଥିବାବେଳେ ବିଭିନ୍ନ ପ୍ରଦର୍ଶନୀ, ମେଳା ଓ ଉତ୍ସବର ଆକର୍ଷଣ ବଢ଼ାଇବା ପାଇଁ କେବଳ ଶଗଡ଼ ସ୍ଥାନ ପାଉଥିବା ଦେଖିବାକୁ ମିଳୁଛି। କାଁଭାଁ କେଉଁଠି ସେହି ପୁରୁଣା ଶଗଡ଼ ରହିଥିଲେ ମଧ୍ୟ ତାହା ନଷ୍ଟ ହେବାରେ ଲାଗିଛି।



### ଏବେ ପ୍ରଦର୍ଶନୀ ପାଇଁ କେବଳ ଛୋଟ ଶଗଡ଼ ଗଢୁଛି



ଶଗଡ଼ କାରିଗର ଭୁବନେଶ୍ୱର ଉପକଣ୍ଠ ପାତ୍ରପଡ଼ା ନିକଟ କାଶିପୁର ଗ୍ରାମର ଶଙ୍କର୍ଷଣ ପ୍ରଧାନ କହିବା ଅନୁସାରେ ସେ ପ୍ରାୟ ୪୦ବର୍ଷରୁ ଅଧିକ ସମୟ ଧରି ଶଗଡ଼ ଗାଡ଼ି ତିଆରି କରିଛନ୍ତି। ପୂର୍ବରୁ ସେ ବର୍ଷକୁ ୧୦ରୁ ଅଧିକ ଶଗଡ଼ ନିର୍ମାଣ କରୁଥିଲେ। ଗୋଟିଏ ଶଗଡ଼ ପାଇଁ ସେ ୧୦ହଜାର ପର୍ଯ୍ୟନ୍ତ ପାରିଶ୍ରମିକ ନେଉଥିଲେ। ସିରିଶ, ଚାକୁଣ୍ଡା, ପୁଟିଆ ଆଦି କାଠ ଏହି ଗାଡ଼ି ପାଇଁ ବ୍ୟବହାର କରାଯାଉଥିଲା। ଶଗଡ଼ର ଦଣ୍ଡା, ଜୁଆଳି, ପୟା, ବାଙ୍କୁଲି ଆଦି ଗଢ଼ିବାକୁ ତାଙ୍କୁ ମାସେରୁ ଅଧିକ ସମୟ ଲାଗି ଯାଉଥିଲା। ହେଲେ ପ୍ରାୟ ୧୦ରୁ ୧୫ବର୍ଷ ହେବ ଆଉ ଶଗଡ଼ ତିଆରି କରୁନାହାନ୍ତି। କେବଳ ପ୍ରଦର୍ଶନୀ ପାଇଁ ଛୋଟ ଛୋଟ ଶଗଡ଼ ଗଢୁଥିବା ସେ ପ୍ରକାଶ କରିଛନ୍ତି।

### ବଳଦ ନାହିଁ କି ଶଗଡ଼ ନାହିଁ



ତମାଣ୍ଡୋ ମଦନପୁର ଅଞ୍ଚଳର ଚାଷୀ ଅମୂଲ୍ୟ ପ୍ରଧାନ କୁହନ୍ତି, ୧୫ରୁ ୨୦ବର୍ଷ ତଳେ ଆମ ଘରେ ଗୋଟିଏ ଶଗଡ଼ ଥିଲା। ସେତେବେଳେ ଆମେ ବିଲକୁ ଖତ ଓ ବିଲରୁ ବାଡ଼ିକୁ ଧାନ ଆଣିବା ପାଇଁ ଏହାକୁ ବ୍ୟବହାର କରୁଥିଲୁ। ଏବେ ଟ୍ରାକ୍ଟର ସଂଖ୍ୟା ବଢ଼ିବା ସହ ଘରେ ଆଉ ବଳଦ ନାହାନ୍ତି। ସୁବିଧାରେ ଟ୍ରାକ୍ଟର ସବୁ କାମ କରି ଦେଉଥିବାରୁ ଲୋକେ ଆଉ ଶଗଡ଼ ବ୍ୟବହାର କରି ଅଧିକ ପରିଶ୍ରମ କରିବା ସପକ୍ଷରେ ନୁହନ୍ତି। ଏଣୁ ଶଗଡ଼ ବ୍ୟବହାର ସମ୍ପୂର୍ଣ୍ଣ ବନ୍ଦ ହୋଇଯାଇଛି।

### ପରିବେଶ ପାଇଁ ପାରମ୍ପରିକ ଉପକରଣ ବ୍ୟବହାର ଜରୁରୀ



ପରିବେଶବିତ୍ ବିଶ୍ୱ ରଞ୍ଜନ ସ୍ୱାଇଁ କୁହନ୍ତି, ଦିନକୁ ଦିନ ପ୍ରଦୂଷଣ ବଢ଼ିବାରେ ଲାଗିଛି। ପୂର୍ବରୁ ଜୈବିକ ପ୍ରଣାଳୀରେ ଚାଷ କରାଯାଉଥିଲା। ପରିବେଶ ସୁରକ୍ଷିତ ରହିଥିଲା, ଲୋକେ ରୋଗମୁକ୍ତ ରହୁଥିଲେ। ଏବେ ମେଶିନ ଯୁଗରେ ପରିବେଶ ବିଗିଡ଼ିବାରେ ଲାଗିଛି ଓ ରୋଗ ବଢ଼ିବାରେ ବି ଲାଗିଛି। ପାରମ୍ପରିକ ଯୁଗକୁ ସମ୍ପୂର୍ଣ୍ଣ ଭାବେ ଫେରିବା ସମ୍ଭବପର ହୋଇ ନ ଥିଲେ ବି ପରିବେଶକୁ ସଜାଡ଼ିବା ପାଇଁ ଆମକୁ କିଛି ପାରମ୍ପରିକ ଉପକରଣ ବ୍ୟବହାର ଉପରେ ଗୁରୁତ୍ୱ ଦେବାକୁ ପଡ଼ିବ ବୋଲି ସେ ମତବ୍ୟକ୍ତ କରିଥିଲେ।

## ଆଣ୍ଡାମାନରେ ଆମେରିକୀୟ ନାଗରିକ ଗିରଫ

**ପୋର୍ଟ ବ୍ଲେୟାର:** ଭାରତର ଆଣ୍ଡାମାନ ନିକୋବର ଦ୍ୱୀପପୁଞ୍ଜସ୍ଥିତ ନର୍ଥ ସେଣ୍ଟିନେଲ ଦ୍ୱୀପରେ ପ୍ରବେଶ କରିଥିବାରୁ ଜଣେ ଆମେରିକୀୟ ନାଗରିକଙ୍କୁ ଗିରଫ କରାଯାଇଛି। ଭାରତ ସରକାର ଏହି ଦ୍ୱୀପକୁ ନିଷିଦ୍ଧ ଆଦିବାସୀ ସଂରକ୍ଷିତ କ୍ଷେତ୍ର ଭାବେ ଘୋଷଣା କରିଥିବାବେଳେ ମିଖାଇଲୋ ଭିକ୍ଟୋରିଭିଚ୍ ପୋଲ୍ୟାକୋଭ (୨୪) ନାମକ ଏହି ଆମେରିକୀୟ ନାଗରିକଙ୍କୁ ଗତ ୩୧ରେ ଗିରଫ କରାଯାଇଥିବା ନେଇ ଆଣ୍ଡାମାନ ନିକୋବର ପୋଲିସ ବୁଧବାର ସୂଚନା ଦେଇଛି। ଗତ ୨୬ରେ ସେ ପୋର୍ଟ ବ୍ଲେୟାରରେ ପହଞ୍ଚିଥିଲେ।

# ଭଡ଼ାଘରେ ଚାଲିଛି ୨୯୩ ଅଙ୍ଗନୱାଡି କେନ୍ଦ୍ର

**ମୟୂରଭଞ୍ଜ ଜିଲାରେ ପ୍ରାକ୍ ବିଦ୍ୟାଳୟ ଶିକ୍ଷା ବାଟବଣା**

- ୧୦୫୫ କେନ୍ଦ୍ରର ନିଜସ୍ୱ ଗୃହ ଓ ଭିତ୍ତିଭୂମି ନାହିଁ
- ଘରୋଇ ବିଦ୍ୟାଳୟ ଶିକ୍ଷା ପ୍ରତି ଆକୃଷ୍ଟ ହେଉଛନ୍ତି ଅଭିଭାବକ

ବାରିପଦା,୨।୪
(ନୀଳାଦ୍ରି ବିହାରୀ ଦଣ୍ଡପାଟ)

ଚଳିତ ଶିକ୍ଷା ବର୍ଷଠାରୁ ରାଜ୍ୟରେ ଜାତୀୟ ଶିକ୍ଷାନୀତି-୨୦୨୦ ଆରମ୍ଭ ହୋଇଛି। ଭିତ୍ତିଭୂମି ଓ ଶିକ୍ଷାଦାନରେ ବ୍ୟାପକ ପରିବର୍ତ୍ତନ କରାଯାଇ ଶିଶୁମାନଙ୍କୁ ବିଦ୍ୟାଳୟ ମୁହାଁ କରିବା ପାଇଁ ସ୍କୁଲ ପ୍ରବେଶ ଉତ୍ସବ ଓ ଖଡ଼ିଛୁଆଁ ଭଳି କାର୍ଯ୍ୟକ୍ରମ ସରକାର ହାତକୁ ନେଇଛନ୍ତି। ମାତ୍ର ଗ୍ରାମାଞ୍ଚଳରେ ପ୍ରାକ୍ ବିଦ୍ୟାଳୟ ଶିକ୍ଷା ବାଟବଣା ହୋଇଛି। କୋମଳମତି ଶିଶୁଙ୍କ ଶିକ୍ଷା ଗ୍ରହଣର ଏକମାତ୍ର ମାଧ୍ୟମ ଅଙ୍ଗନୱାଡି କେନ୍ଦ୍ର ଭଡ଼ା ଘରେ ଚାଲିବା ସରକାରୀ ଯୋଜନାକୁ ଦିଗହରା କରିଛି। ଏପରିକି ଆଦର୍ଶ ଅଙ୍ଗନୱାଡି କେନ୍ଦ୍ର ନିର୍ମାଣରେ ପ୍ରଶାସନର ଉଦାସୀନତା କାରଣରୁ ଶିଶୁଙ୍କୁ ମୂଲ୍ୟବୋଧଭିତ୍ତିକ ଶିକ୍ଷା ପ୍ରଦାନରେ ବାଧକ ସୃଷ୍ଟି ହୋଇଛି।

ସୂଚନାଯୋଗ୍ୟ, ମୟୂରଭଞ୍ଜ ଜିଲାର ୨୬ଟି ବ୍ଲକ୍, ୨ଟି ପୌର ପରିଷଦ ଓ ୨ଟି ବିଜ୍ଞାପିତ ଅଞ୍ଚଳ ପରିଷଦରେ ୫୧୫୨ଟି ଅଙ୍ଗନୱାଡି କେନ୍ଦ୍ର ଖୋଲାଯାଇଛି। ସେଥି ମଧ୍ୟରୁ ୧୦୫୫ଟି କେନ୍ଦ୍ରର ନିଜସ୍ୱ ଗୃହ ଓ ଭିତ୍ତିଭୂମି ନ ଥିବା ବେଳେ ୨୯୩ଟି କେନ୍ଦ୍ର ଭଡ଼ାଘରେ ଚାଲିଛି। ସେହିପରି ୧୮୦ଟି ଗୋଷ୍ଠୀ କେନ୍ଦ୍ର ଓ ୫୮୨ଟି ସ୍କୁଲଗୃହରେ ଚାଲୁ ରହିଥିବା ବେଳେ ତାହା ସୁରକ୍ଷିତ ନୁହେଁ ବୋଲି ଅଭିଭାବକମାନେ ସେମାନଙ୍କ ପିଲାଙ୍କୁ ପଠାଇବା ପାଇଁ କୁଣ୍ଠାବୋଧ କରୁଛନ୍ତି। ଏହି ଅଙ୍ଗନୱାଡି କେନ୍ଦ୍ରଗୁଡ଼ିକ ନିର୍ମାଣ କରାଯିବାକୁ ଯୋଜନା ହୋଇଥିବା ବେଳେ କେତେକ ନିର୍ମାଣ ଶେଷ ହୋଇଛି ଏବଂ ଅନ୍ୟ କେତେକର ନିର୍ମାଣ କାର୍ଯ୍ୟ ଚାଲୁ ରହିଛି। ଫଳରେ ଶିଶୁଙ୍କ ପାଇଁ ଉଦ୍ଦିଷ୍ଟ ପାଠପଢ଼ା, ଶୃଙ୍ଖଳା ଓ ରନ୍ଧାଖାଦ୍ୟ ପ୍ରଦାନ, ଖେଳକୁଦ, ଉପକାରୀ ବଗିଚା ଯୋଜନାର ସଫଳ ରୂପାୟନ ହୋଇପାରୁ ନାହିଁ। ଅସ୍ୱାସ୍ଥ୍ୟକର ପରିବେଶ ଓ ପିଣ୍ଡାରେ ବସି ପାଠପଢ଼ିବା ଦ୍ୱାରା ଶିଶୁଙ୍କ ଶୈକ୍ଷିକ ବ୍ୟବସ୍ଥାରେ ଉନ୍ନତି ଆସିପାରୁ ନାହିଁ। ଏପରିକି କୋମଳମତି ଶିଶୁଙ୍କ ମାତାପିତା ଅଙ୍ଗନୱାଡି ପ୍ରତି ବିମୁଖ ହୋଇ ବେସରକାରୀ ବିଦ୍ୟାଳୟ ପ୍ରତି ଆକୃଷ୍ଟ ହେଉଛନ୍ତି। ଫଳରେ ଜିଲାରେ ପ୍ରାକ୍ ବିଦ୍ୟାଳୟ ଶିକ୍ଷା ବ୍ୟବସ୍ଥା ବିପର୍ଯ୍ୟସ୍ତ ହୋଇପଡ଼ିଛି। ଜିଲାପାଳ ପ୍ରତି ମାସରେ ବିଡିଓମାନଙ୍କୁ ଏନେଇ ବାରମ୍ବାର ତାଗିଦ କରୁଥିଲେ ମଧ୍ୟ ସମସ୍ୟାର ସମାଧାନ ହୋଇପାରୁନାହିଁ। ସରକାରୀ ଅଧିକାରୀ ଓ କର୍ମଚାରୀମାନଙ୍କ ଉଦାସୀନତା ଏବଂ ଅବହେଳା କାରଣରୁ ଏପରି ଅବ୍ୟବସ୍ଥା ଲାଗିରହିଛି ବୋଲି ୨୦ ବର୍ଷ ଧରି କେନ୍ଦ୍ର ନିର୍ମାଣ ହୋଇପାରୁ ନ ଥିବା ବଡ଼ସାହି ବ୍ଲକ ବେଲପାଳ ଗ୍ରାମର ଅଭିଭାବକ ପୂର୍ଣ୍ଣେନ୍ଦୁ ବାସଙ୍ଗ, ଶକ୍ତି ବାସଙ୍ଗ ଓ ଦୀପୁ ବାସଙ୍ଗ କହିଛନ୍ତି। ଜିଲାରେ ମୋଟ ୨,୪୫,୪୪୧ ହିତାଧିକାରୀଙ୍କ ମଧ୍ୟରୁ ୩ରୁ ୬ମାସ ପର୍ଯ୍ୟନ୍ତ ୧,୧୩,୬୩୨ ଶିଶୁ, ୧୨,୭୬୪ ପ୍ରସୂତି, ୧୭,୩୯୨ ଗର୍ଭବତୀ, ୬ ମାସରୁ କମ୍ ୧୨,୪୫୨ ଶିଶୁ, ୬ ମାସରୁ ୬ ବର୍ଷ ପର୍ଯ୍ୟନ୍ତ ୮୯,୨୦୧ ଜଣ ଶିଶୁ ରହିଛନ୍ତି। ଏମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ଯୋଜନା ଫେଲ୍ ହେବାକୁ ବସିଛି।

ଏ ସଂକ୍ରାନ୍ତରେ ଭାରପ୍ରାପ୍ତ ଜିଲା ସମାଜ ମଙ୍ଗଳ ଅଧିକାରିଣୀ ନିହାରିକା ମହାନ୍ତିଙ୍କୁ ପଚାରିବାରୁ ଜିଲାପାଳଙ୍କ ନିର୍ଦ୍ଦେଶରେ ସମସ୍ତ କାର୍ଯ୍ୟ ହାତକୁ ନିଆଯାଇଛି। ନିର୍ମାଣ କାର୍ଯ୍ୟ ପାଇଁ ସହରାଞ୍ଚଳରେ ପୌର ଅଧିକାରୀ ଓ ଗ୍ରାମାଞ୍ଚଳରେ ବ୍ଲକ୍ ପ୍ରଶାସନ ଜରିଆରେ କାର୍ଯ୍ୟ ଚାଲୁ ରହିଛି। ମାତ୍ର ବିଭିନ୍ନ କାରଣ ଯୋଗୁ ନିର୍ମାଣ କାର୍ଯ୍ୟ ଶେଷ ହୋଇପାରୁ ନ ଥିବାରୁ ନିଜସ୍ୱ କେନ୍ଦ୍ରଗୁଡ଼ିକ କାର୍ଯ୍ୟକ୍ଷମ ହୋଇପାରୁନାହିଁ। ସେହିପରି ଶିଶୁଙ୍କ ଖେଳକୁଦ ସମେତ ଗର୍ଭବତୀ ଓ ପ୍ରସୂତିଙ୍କ ସ୍ୱାସ୍ଥ୍ୟ ଓ ପୋଷଣ ପାଇଁ ଅଙ୍ଗନୱାଡିଗୁଡ଼ିକୁ ଆଦର୍ଶ କେନ୍ଦ୍ର ଭାବେ ପରିଣତ କରିବା ପାଇଁ ଯୋଜନା ଆରମ୍ଭ କରାଯାଇଛି ବୋଲି ସେ କହିଛନ୍ତି।

ଓଡ଼ିଶା ଖଣିଜ ପଦାର୍ଥ ଧାରକ ଅଞ୍ଚଳ ଉନ୍ନୟନ ନିଗମ(ଓମ୍ଫେକ୍ସ) ମୟୂରଭଞ୍ଜ ଜିଲା ସହାୟତାରେ ରୂପାନ୍ତରିତ କରିବା ପାଇଁ ରୂପରେଖ ପ୍ରସ୍ତୁତ ହୋଇଥିଲା। ୨୦୧୯ରେ ଜିଲାର ୮୨୬ଟି କେନ୍ଦ୍ରକୁ ଆଦର୍ଶ ଅଙ୍ଗନୱାଡି ଭାବେ ନିର୍ମାଣ କରିବା ପାଇଁ ଓମ୍ଫେକ୍ସ ପକ୍ଷରୁ ୫୨୮କୋଟି ଟଙ୍କାର ଡିପିଆର୍ ପ୍ରସ୍ତୁତ କରାଯାଇଥିଲା। ଏଥିରେ ପ୍ରତି କେନ୍ଦ୍ରକୁ ୧୫ଲକ୍ଷ ଟଙ୍କାର ବ୍ୟୟବରାଦର ଲକ୍ଷ୍ୟ ରଖାଯାଇଥିଲା। ଏହା ସହ ପୁରୁଣା କେନ୍ଦ୍ରଗୁଡ଼ିକର ପରିପାର୍ଶ୍ୱିକ ଉନ୍ନତୀକରଣ କରିବା ପାଇଁ ୪ଲକ୍ଷ ୫୦ହଜାରରୁ ୭ଲକ୍ଷ ୫୦ହଜାର ଟଙ୍କା ପର୍ଯ୍ୟନ୍ତ ବ୍ୟୟବରାଦ ରହିଥିଲା। ପ୍ରଥମ ପର୍ଯ୍ୟାୟରେ ଓମ୍ଫେକ୍ସ ପକ୍ଷରୁ ୨୦୨୧-୨୨ରେ ଜିଲାର ୩୪୬ଟି ଆଦର୍ଶ ଅଙ୍ଗନୱାଡି କେନ୍ଦ୍ର ନିମନ୍ତେ ଅର୍ଥ ମଞ୍ଜୁର କରାଯାଇ କାର୍ଯ୍ୟ ଆରମ୍ଭ ହୋଇଥିଲା। ଏହା ମଧ୍ୟରୁ ୩୦୦ କାର୍ଯ୍ୟ ସମ୍ପାଦନ ହୋଇଥିବା ବେଳେ ୪୬ଟିର ନିର୍ମାଣ କାର୍ଯ୍ୟ ଜାରି ରହିଛି। ଅବଶିଷ୍ଟ ୪୮୦ଟି ଆଦର୍ଶ ଅଙ୍ଗନୱାଡି କେନ୍ଦ୍ର ନିର୍ମାଣ ନିମନ୍ତେ ଅର୍ଥ ମଞ୍ଜୁର କରିବା ପାଇଁ ପ୍ରଶାସନ ପକ୍ଷରୁ ବାରମ୍ବାର ବିଭାଗକୁ ଅବଗତ କରାଯାଇଥିଲେ ମଧ୍ୟ ତାହା ଅନୁମୋଦନ ପାଇପାରୁନାହିଁ। ତେବେ ଜାତୀୟ ଶିକ୍ଷାନୀତି ଅନୁଯାୟୀ ପ୍ରାକ୍ ଶିକ୍ଷାକୁ ଗୁରୁତ୍ୱ ଦିଆ ନ ଗଲେ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଯୋଜନା ଲକ୍ଷ୍ୟସ୍ଥଳରେ ଅପହଞ୍ଚ ହୋଇପଡ଼ିବ ବୋଲି ଅଭିଭାବକମାନେ ମତବ୍ୟକ୍ତ କରିଛନ୍ତି।

**ପ୍ରଥମ ପୃଷ୍ଠାରୁ...**

## ବିଧାନସଭାରେ ...

ପକ୍ଷ କରାଯାଇଥିଲା। ହାଇକୋର୍ଟ ରାଜ୍ୟ ସରକାରଙ୍କ ସପକ୍ଷରେ ରାୟ ଦେଇଥିବାବେଳେ ପ୍ରଫେସ ୨୦୨୦ ମେ ୨୨ରେ ସୁପ୍ରିମକୋର୍ଟରେ ପିଟିସନ ଫାଇଲ କରିଥିଲେ। ଏହାପରେ ମାମଲାଟି କୋର୍ଟରେ ବିଚାରାଧୀନ ଥିବାବେଳେ ରାଜ୍ୟ ସରକାର କିପରି ଏହି ସଂଶୋଧନ ଆଣୁଛନ୍ତି? ଏଥିପାଇଁ କ'ଣ ନ୍ୟାୟାଳୟଠାରୁ ସରକାର ଅନୁମତି ଆଣିଛନ୍ତି କି ବୋଲି ସ୍ୱାଇଁ ପ୍ରଶ୍ନ କରିଥିଲେ। ଏବେ କେନ୍ଦ୍ର ସରକାର ବି ୟୁଜିସି ନିୟମରେ ସଂଶୋଧନ କରିବାକୁ କୋର୍ଟରୁ ସମୟ ନେଇଛନ୍ତି । ତେଣୁ ଏହି ବିଲ୍ ପାଇଁ ଅଧିକ ସମୟ ନିଆଯାଉ, ସିଲେକ୍ଟ କମିଟିକୁ ପଠାଯାଉ ବୋଲି ସ୍ୱାଇଁ ଦାବି କରିଥିଲେ।

ବିଜେଡି ସଦସ୍ୟ ଅରୁଣ ସାହୁ ବିଲ୍ ଉପରେ ୧ ଘଣ୍ଟା ୪୭ ମିନିଟ୍ ଆଲୋଚନା କରି କହିଛନ୍ତି, ଓଡ଼ିଶା ବିଶ୍ୱବିଦ୍ୟାଳୟ ଆଇନ (ସଂଶୋଧିତ) ୨୦୨୦ରେ ବିଶ୍ୱବିଦ୍ୟାଳୟର ସ୍ୱାୟତ୍ତତା ନଷ୍ଟ ହେଉଛି ବୋଲି ସରକାର ଯାହା କହୁଛନ୍ତି, ସେନେଇ ପ୍ରମାଣ ଦେଇପାରିବେ କି? ୨୦୨୦ରେ ହୋଇଥିବା ସଂଶୋଧନକୁ ଏଡ଼ାଇବା ପାଇଁ ସରକାର ଏହି ନୂଆ ଓଡ଼ିଶା ବିଶ୍ୱବିଦ୍ୟାଳୟ (ସଂଶୋଧିତ) ବିଲ୍ ୨୦୨୫ ଆଣିଛନ୍ତି। ହେଲେ ଏହାକୁ ତରବରିଆ ଭାବେ ଗୃହୀତ କରା ନ ଯାଉ। ଜାତୀୟ ଶିକ୍ଷାନୀତିରେ ଯାହା ଅଛି, ଏହି ବିଲ୍ ତାହା ବିରୋଧରେ ଯାଉଛି। ଯଦି ଓପିଏସ୍‌ସି ଦ୍ୱାରା ନିଯୁକ୍ତି ପ୍ରକ୍ରିୟା ଭୁଲ୍, ତେବେ ସରକାର ଏହି ବିଲ୍‌ରେ ସଂଶୋଧନ ଆଣିବା ପରେ ବିଭିନ୍ନ ବିଶ୍ୱବିଦ୍ୟାଳୟରେ ନିଯୁକ୍ତି ପାଇଥିବା ୨୧୫ ଜଣଙ୍କୁ ଚାକିରିରୁ କ'ଣ ବିଦା କରିଦେବେ? ୧୯୮୯ରେ ବିଶ୍ୱବିଦ୍ୟାଳୟ ବିଲ୍ ଆସିଥିବାବେଳେ ୨୦୨୦ରେ ଏହାର ପ୍ରଥମ ସଂଶୋଧନ ହୋଇଥିଲା। ଏମିତି କ'ଣ ଦରକାର ପଡ଼ିଲା ଯେ ଏବେ ୪ ବର୍ଷରେ ସଂଶୋଧନର ଆବଶ୍ୟକତା ପଡୁଛି। ଏହି ଆଲୋଚନାରେ କାହିଁକି ସିନେଟ ବ୍ୟବସ୍ଥା ଉଠାଯାଇଥିଲା, କିପରି ଅନ୍ୟ ରାଜ୍ୟରେ ରାଜ୍ୟ ସରକାର କୁଳପତି ଓ ବିଶ୍ୱବିଦ୍ୟାଳୟ ଅଧ୍ୟାପକ ନିଯୁକ୍ତି ଦେଉଛନ୍ତି ସେ ତା'ର ଉଦାହରଣ ଦେଇଥିଲେ। ଏହି ବିଲ୍‌କୁ ସାଧାରଣ ବିଲ୍ ନ ଭାବି ଅଧିକ ବିଚାରବିମର୍ଶକରି ଗୃହୀତ କରିବାକୁ ସେ ପ୍ରସ୍ତାବ ଦେଇଥିଲେ । ବିରୋଧୀ ଦଳ ପକ୍ଷରୁ ଗଣେଶ୍ୱର ବେହେରା, ଧ୍ରୁବ ଚରଣ ସାହୁ, ଦେବୀରଞ୍ଜନ ତ୍ରିପାଠୀ, ରମେଶ ଚନ୍ଦ୍ର ବେହେରା, ଗୌତମବୁଦ୍ଧ ଦାସ, ବ୍ୟୋମକେଶ ରାୟ ଆଲୋଚନାରେ ଭାଗନେଇଥିଲେ।

ଶାସକ ଦଳ ପକ୍ଷରୁ ଟଙ୍କଧର ତ୍ରିପାଠୀ ଆଲୋଚନା ଆରମ୍ଭକରି ଏହି ବିଲ୍ ଶିକ୍ଷାନୁଷ୍ଠାନର ସ୍ୱାୟତ୍ତତା ବଜାୟ ରଖିବା ଏବଂ ଶିକ୍ଷାକୁ ସର୍ବସ୍ପର୍ଶୀ ଓ ସର୍ବବ୍ୟାପୀ କରିବାକୁ । ପୂର୍ବରୁ ରାଜନୈତିକ ଉଦ୍ଦେଶ୍ୟ ରଖି ସଂଶୋଧନ ଆଣାଯାଇଥିଲା। ସମସ୍ତଙ୍କ ସହ ଆଲୋଚନା କରାଯାଇ ନ ଥିବାରୁ ସେତେବେଳେ ବିଭିନ୍ନ ସଙ୍ଗଠନ ଆନ୍ଦୋଳନ କରିଥିଲେ। କୁଳପତି ନିଯୁକ୍ତି କମିଟିରେ କାହିଁକି ଜଣେ ଶିକ୍ଷାବିତ୍‌ଙ୍କୁ ନ ରଖି ଜଣେ ଉଚ୍ଚପଦସ୍ଥ ମୁଖ୍ୟ ଶାସନ ସଚିବ ପାହ୍ୟାର ଅଫିସରଙ୍କୁ ରଖିବା ବ୍ୟବସ୍ଥା କରାଯାଇଥିଲା। ଆମେ ଶିକ୍ଷାବିତ୍‌ଙ୍କୁ ରଖିଛୁ। କୁଳପତିଙ୍କର ଅବସର ବୟସ ୬୫ ରୁ ୭୦ ବର୍ଷ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। କୁଳପତିଙ୍କ ପୁନଃ ନିଯୁକ୍ତି ବ୍ୟବସ୍ଥା, କୁଳସଚିବ ଏବଂ ପରୀକ୍ଷା ନିୟନ୍ତ୍ରକଙ୍କ କାର୍ଯ୍ୟକାଳ ୩ ବର୍ଷ ଧାର୍ଯ୍ୟ କରାଯାଇଛି। ସେହିପରି ଉଚ୍ଚଶିକ୍ଷା ଆଚାର୍ଯ୍ୟ କହିଛନ୍ତି, ରାଜ୍ୟ ସରକାରଙ୍କ ଅଧିକାର ଅଛି, କୋର୍ଟରେ କେସ୍ ଚାଲିଥିଲେ ବି ବିଧେୟକ ଆଣିପାରିବେ ଏବଂ କୋର୍ଟଙ୍କ ବିନା ଅନୁମତିରେ ନୂଆ ଆଇନ ତିଆରି କରିପାରିବେ। ଶାସକ ଦଳ ପକ୍ଷରୁ ଆମର ନାୟକ, ସନ୍ତୋଷ ଖଟୁଆ, ବିକାଶ ମହାପାତ୍ର, ବାବୁ ସିଂ ପ୍ରମୁଖ ଅଂଶଗ୍ରହଣ କରିଥିଲେ ।

## ସବୁ ପଦବୀ ପୂରଣ ପାଇଁ ଆଣିଛୁ ସଂଶୋଧନ ବିଲ୍: ସୂର୍ଯ୍ୟବଂଶୀ

ଆଲୋଚନାରେ ଉତ୍ତର ରଖି ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି, ବିରୋଧୀ କହୁଛନ୍ତି କାହିଁକି ତରବରିଆ ଭାବେ ବିଲ୍ ଗୃହୀତ କରାଯାଉଛି। ସେମାନେ ଜାଣିବା ଦରକାର, ବର୍ତ୍ତମାନ ରାଜ୍ୟରେ ବିଶ୍ୱବିଦ୍ୟାଳୟଗୁଡ଼ିକ ମୋଟ ୩୫ ପ୍ରତିଶତ ଶିକ୍ଷକ ପଦବୀ, ୨୯% ଅଣଶିକ୍ଷକ ପଦବୀରେ ଚାଲିଛି। ୮ଟି ସରକାରୀ ବିଶ୍ୱବିଦ୍ୟାଳୟର ନାକ୍ ମାନ୍ୟତା ଥିବାବେଳେ ୯ଟିର ନାକ୍ ମାନ୍ୟତା ନାହିଁ। ତେଣୁ ଆମେ ସବୁ ପଦବୀ ପୂରଣ କରିବା ପାଇଁ ଓଡ଼ିଶା ବିଶ୍ୱବିଦ୍ୟାଳୟ ସଂଶୋଧନ ବିଲ୍ ଆଣିଛୁ। ବିଭିନ୍ନ ବିଶ୍ୱବିଦ୍ୟାଳୟରେ ଅଧ୍ୟାପକ ପଦବୀ ପାଇଁ ହେଉଥିବା ନିଯୁକ୍ତି ପ୍ରକ୍ରିୟା ବନ୍ଦ କରିବାକୁ ୟୁଜିସି ରାଜ୍ୟ ସରକାରଙ୍କୁ ଚିଠି ଲେଖିବା ପରେ ବନ୍ଦ ହୋଇଥିଲା। ଯଦି ୟୁଜିସିର ନିୟମ ଭୁଲ୍ ଥିଲା, ତେବେ କାହିଁକି ନିଯୁକ୍ତି ପ୍ରକ୍ରିୟା ବନ୍ଦ କରିଥିଲ। ଓପିଏସ୍‌ସି ଦ୍ୱାରା ହୋଇଥିବା ନିଯୁକ୍ତିକୁ ହାଇକୋର୍ଟରେ ମଧ୍ୟ ଚାଲେଞ୍ଜ କରାଯାଇଥିଲା। ଏପରିକି ଏହି ନିୟମ ବଳରେ ୨ଜଣ କୁଳପତି ନିଯୁକ୍ତି ଦିଆଯାଇଥିବା ବେଳେ ଅନ୍ୟ ନିଯୁକ୍ତି କାହିଁକି ବନ୍ଦ କରାଯାଇଥିଲା? କାହିଁକି ହାଇକୋର୍ଟରେ ଆବେଦନ କରି ନ ଥିବା ବ୍ୟକ୍ତିଙ୍କୁ ନିଯୁକ୍ତି ମିଳିଥିବା କଥା ଉଠିଲା? ସେହିପରି ୟୁଜିସି ପଇସା ଦେଉ ନ ଥିବା ନେଇ ଯେଉଁ ଅଭିଯୋଗ ଉଠାଯାଉଛି, ସେମାନେ ଜାଣିବା ଦରକାର ଯେ, ୟୁଜିସି ଗବେଷଣା ପାଇଁ ଅର୍ଥ ଦିଏ । ଶିକ୍ଷା ମନ୍ତ୍ରଣାଳୟ ଭିତ୍ତିଭୂମି ପାଇଁ ଅର୍ଥ ଦିଏ। ମନ୍ତ୍ରୀ କହିଛନ୍ତି, ପୂର୍ବ ସରକାର ଅଫିସରମାନଙ୍କ ଗ୍ରୁପ୍ ଦ୍ୱାରା କୁଳପତି ବାଛିବାକୁ ଷଡ଼ଯନ୍ତ୍ର ହୋଇଥିଲା। ଆମେ ବିଶ୍ୱବିଦ୍ୟାଳୟର ସ୍ୱାୟତ୍ତତା ଫେରାଇ ଆଣିବାକୁ ଏହି ନୂଆ ଆଇନ ଆଣିଛୁ । ବିଶ୍ୱବିଦ୍ୟାଳୟଗୁଡ଼ିକୁ ସରକାରଙ୍କ ନିୟନ୍ତ୍ରଣରୁ ମୁକ୍ତ କରିବୁ। ଗତ ସରକାର ଯେଉଁ ପାପ କରିଛନ୍ତି, ସେଥିପାଇଁ ସେମାନେ ତ କ୍ଷମା ମାଗିପାରିବେ ନାହିଁ । ମୁଁ ଶିକ୍ଷକ ସମାଜକୁ କ୍ଷମା ମାଗୁଛି ବୋଲି ମନ୍ତ୍ରୀ କହିଛନ୍ତି ।

# ପୁଅର ମୃତ୍ୟୁ ଖବର ଶୁଣି ବାପାଙ୍କ ମୃତ୍ୟୁ

ଆସିକା,୨।୪ (ସୁରେନ୍ଦ୍ର ନାଥ ସାହୁ)

ଗଞ୍ଜାମ ଜିଲା ଆସିକା ବ୍ଲକ ଅନ୍ତର୍ଗତ ଗଙ୍ଗାପୁର ଶାସନ ଗ୍ରାମରେ ମଙ୍ଗଳବାର ଏକ ଅଭାବନୀୟ ଘଟଣା ଘଟିଛି। ପୁଅର ମୃତ୍ୟୁ ଖବର ଶୁଣି ଡାକ୍ତରଖାନାରେ ଚିକିତ୍ସାଧୀନ ବାପାଙ୍କ ମୃତ୍ୟୁ ହୋଇଛି। ଗ୍ରାମବାସୀଙ୍କ ସହଯୋଗରେ ବାପା ଅଭିମନ୍ୟୁ ମୁନି (୭୦)ଙ୍କ ଅନ୍ତିମ ସଂସ୍କାର ହୋଇଥିବା ବେଳେ ଟ୍ରେନ୍‌ରୁ ଖସି ପ୍ରାଣ ହରାଇଥିବା ପୁଅ ପ୍ରଶାନ୍ତ ମୁନିଙ୍କ ମୃତଦେହ ଆଣିବାକୁ ସମ୍ପର୍କୀୟମାନେ ଆନ୍ଧ୍ରପ୍ରଦେଶ ଯାଇଛନ୍ତି। ଗଙ୍ଗାପୁର ଶାସନ ଗ୍ରାମର ଅଭିମନ୍ୟୁ କିଛିଦିନ ହେଲା ଝିଅ ବାହାଘର କରିଥିଲେ। ଏହାପରେ ପରିବାରର ଗୁଜୁରାଣ ମେଣ୍ଟାଇବା ପାଇଁ ତାଙ୍କର ଏକମାତ୍ର ପୁଅ ପ୍ରଶାନ୍ତ କାମ କରିବାକୁ ସୁରଟ ଯାଇଥିଲେ।


ଅଭିମନ୍ୟୁ ମୁନି


ପ୍ରଶାନ୍ତ ମୁନି

ସ୍ତ୍ରୀଙ୍କ ସହ ଗାଁରେ ରହୁଥିବା ଅଭିମନ୍ୟୁ ଶାରିରୀକ ଅସୁସ୍ଥତା କାରଣରୁ କିଛିଦିନ ହେଲା ବ୍ରହ୍ମପୁର ବଡ ଡାକ୍ତରଖାନାରେ ଭର୍ତ୍ତି ହୋଇଥିଲେ। ପ୍ରଶାନ୍ତ ବାପାଙ୍କୁ ଦେଖିବାକୁ ସୁରଟରୁ ଟ୍ରେନ୍‌ରେ ବାହାରିଥିଲେ। ତେବେ ବିଧିର ବିଧାନ ଥିଲା ଅଲଗା। ବାପାଙ୍କ ସ୍ୱାସ୍ଥ୍ୟ ଅବସ୍ଥା ବୁଝିବା ପୂର୍ବରୁ ଆନ୍ଧ୍ରପ୍ରଦେଶର କୌଣସି ଏକ ସ୍ଥାନରେ ସେ ଚଳନ୍ତା ଟ୍ରେନରୁ ଖସିପଡିଥିଲେ। ସେଠାରେ ତାଙ୍କର ମୃତ୍ୟୁ ହୋଇଥିଲା। ଏହି ଖବର ଶୁଣିବା ପରେ ଡାକ୍ତରଖାନା ଶଯ୍ୟାରେ ଥିବା ଅଭିମନ୍ୟୁଙ୍କ ପ୍ରାଣ ବାୟୁ ଉଡ଼ିଯାଇଥିଲା। ଆର୍ଥିକ ଅନଟନରେ କାଳାତିପାତ କରୁଥିବା ଏହି ପରିବାରକୁ ସରକାରୀ ସହାୟତା ଯୋଗାଇ ଦେବା ଲାଗି ଗ୍ରାମବାସୀଙ୍କ ପକ୍ଷରୁ ଦାବି ହେଉଛି।

# ସ୍କୁଲ ଭ୍ୟାନ୍ ଓଲଟି ୩ ଆହତ

ଠାକୁରମୁଣ୍ଡା,୨।୪
(ତାରାକାନ୍ତ ପଟ୍ଟନାୟକ)




ମୟୂରଭଞ୍ଜ ଜିଲା କରଞ୍ଜିଆ-ଚଢ଼େଇଭୋଳ ରାସ୍ତାର ଭଅଁରା ନିକଟରେ ବୁଧବାର ଏକ ସ୍କୁଲ ଭ୍ୟାନ୍ ଓଲଟି ୨ ଛାତ୍ରଙ୍କ ସମେତ ୩ ଜଣ ଆହତ ହୋଇଛନ୍ତି। ଚିକିତ୍ସା ପାଇଁ ସେମାନଙ୍କୁ କରଞ୍ଜିଆ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ସୂଚନା ଅନୁଯାୟୀ, ସକାଳେ କରଞ୍ଜିଆ ବିବେକାନନ୍ଦ ପବ୍ଲିକ ସ୍କୁଲ ଭ୍ୟାନ୍‌ରେ ୧୦ ଜଣ ଛାତ୍ର ଯାଉଥିବା ବେଳେ ଡ୍ରାଇଭରଙ୍କ ବେପରୁଆ ଚାଳନା ଯୋଗୁ ଭାରସାମ୍ୟ ହରାଇ ଓଲଟି ପଡ଼ିଥିଲା। ଫଳରେ ୨ ଛାତ୍ର ଓ ହେଲପର ଆହତ ହୋଇଥିଲେ। ଦୁର୍ଘଟଣା ପରେ ଡ୍ରାଇଭର ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ଏହାର ପ୍ରତିବାଦରେ ସ୍ଥାନୀୟ ଲୋକେ ରାସ୍ତା ଅବରୋଧ କରିଥିଲେ। ଖବରପାଇ କରଞ୍ଜିଆ ଉପଜିଲାପାଳ ପହଞ୍ଚି ଆହତ ୨ ଛାତ୍ରଙ୍କ ଚିକିତ୍ସା ପାଇଁ ରେଡକ୍ରସ ପାଣ୍ଠିରୁ ୫ ହଜାର ଟଙ୍କା ଲେଖାଏ ସହାୟତା ରାଶି ପ୍ରଦାନ କରିବାପାଇଁ ପ୍ରତିଶ୍ରୁତି ଦେବା ପରେ ରାସ୍ତାରୋକୋ ହଟିଥିଲା। କରଞ୍ଜିଆ ପୋଲିସ ତଦନ୍ତ ଜାରି ରଖିଛି।

GOVERNMENT OF ODISHA
OFFICE OF THE EXECUTIVE ENGINEER
RURAL WATER SUPPLY & SANITATION DIVISION, BOUDH
E-mail eerwss_bou@nic.in/ rwssboudh@gmail.com
Letter No.981 Dt.28.03.2025
TENDER CANCELLATION NOTICE
No.O-01:Due to some technical reason the Tender Call Notice No.07 of 2024-25 could not uploaded and the tender has been cancelled due to unavoidable circumstance.
Sd./- Executive Engineer
RWS&S Division, Boudh
OIPR-25039/11/0005/2425

SUPERINTENDENT PRM MCH, BARIPADA
MAYURBHANJ
Notice No. 1513 Date : 27.03.2025
TENDER CALL NOTICE
No.E-01 : Sealed tenders are invited from interested/Wholesale/Retail/Distributor/registered agency for supply of Drugs & Consumables to PRM Medical College & Hospital, Baripada. The details regarding specification, terms & conditions may be downloaded from district website https://mayurbhanj.odisha.gov.in/. The bids in sealed envelope should reach the office of the undersigned by Dt. 21.04.2025 till 5.30 P.M. along with all relevant documents. The tender will be opened on Dt. 22.04.2025 at 11.30 A.M. in the presence of bidders or authorized representatives. In case of absence of any bidder then bid document will be opened by the committee members. The undersigned reserves the right to reject any or all the tenders without assigning any reasons thereof.
Sd./- Superintending PRM MCH
OIPR-10120/11/0014/2425 Baripada, Mayurbhanj

**ଜାତୀୟ/ଅନ୍ତର୍ଜାତୀୟ**

# ଭାରତରେ ୨୦୫ ବିଲିୟନେୟାର

ନ୍ୟୁୟର୍କ, ୨।୪


ମୁକେଶ ଅମ୍ବାନୀ


ସାବିତ୍ରୀ ଜିନ୍ଦଲ

- **ମୁକେଶ ଅମ୍ବାନୀ ଦେଶର ସବୁଠୁ ଧନୀ**
- **ସାବିତ୍ରୀ ଜିନ୍ଦଲ ଧନୀ ମହିଳା**

ଆମେରିକୀୟ ବିଜ୍‌ନେସ୍ ମାଗାଜିନ ଫୋର୍ବ୍ସ ପକ୍ଷରୁ ବୁଧବାର ବିଶ୍ୱବ୍ୟାପୀ ବିଲିୟନେୟାରଙ୍କ ତାଲିକାକୁ ଜାରି କରାଯାଇଛି। ଫୋର୍ବ୍ସ ବିଲିୟନେୟାର୍ସ ଲିଷ୍ଟ ୨୦୨୫ ଅନୁଯାୟୀ, ବିଶ୍ୱର ସର୍ବାଧିକ ବିଲିୟନେୟାର ଆମେରିକାରେ ରୁହନ୍ତି। ୯୦୨ ଜଣ ବିଲିୟନେୟାରଙ୍କ ସହ ଆମେରିକା ବିଶ୍ୱର ସର୍ବାଧିକ ବିଲିୟନେୟାର ଥିବା ଦେଶ ହୋଇପାରିଛି। ୪୫୦ ବିଲିୟନେୟାରଙ୍କ ସହ ଚାଇନା ହେଉଛି ସର୍ବାଧିକ ବିଲିୟନେୟାର ଥିବା ଦ୍ୱିତୀୟ ଦେଶ। ଏହି ତାଲିକାରେ ଭାରତ ତୃତୀୟ ସ୍ଥାନରେ ରହିଛି। ଭାରତରେ ୨୦୫ ଜଣ ବିଲିୟନେୟାର ରହିଛନ୍ତି। ଚଳିତ ବର୍ଷ ଭାରତକୁ ୫ ଜଣ ନୂଆ ବିଲିୟନେୟାର ମିଳିଥିବା ଏହି ରିପୋର୍ଟ କହିଛି। ରିପୋର୍ଟ ଅନୁଯାୟୀ, ୩୪୨ ବିଲିୟନ ଡଲାର ସମ୍ପତ୍ତି ସହ ସ୍ପେସ୍ ଏକ୍ସ' ପ୍ରତିଷ୍ଠାତା ଏଲନ ମସ୍କ ହେଉଛନ୍ତି ବିଶ୍ୱର ସବୁଠାରୁ ଧନୀ ବ୍ୟକ୍ତି। ସେହିପରି ୨୧୬ ବିଲିୟନ ଡଲାର ସମ୍ପତ୍ତି ସହ ଫେସ୍‌ବୁକ ଫାଉଣ୍ଡର ମାର୍କ ଜୁକରବର୍ଗ ଏବଂ ୨୧୫ ବିଲିୟନ ଡଲାର ସମ୍ପତ୍ତି ସହ ଆମାଜନ ପ୍ରତିଷ୍ଠାତା ଜେଫ୍ ବେଜୋସ୍ ଯଥାକ୍ରମେ ବିଶ୍ୱର ଦ୍ୱିତୀୟ ଏବଂ ତୃତୀୟ ଧନୀ ବ୍ୟକ୍ତି ବୋଲି ଏହି ରିପୋର୍ଟ କହିଛି। ୯୨.୫ ବିଲିୟନ ଡଲାର ସମ୍ପତ୍ତି ସହ ରିଲାଏନ୍ସ ଗ୍ରୁପ୍ ଚେୟାରମ୍ୟାନ ମୁକେଶ ଅମ୍ବାନୀ ଭାରତର ସବୁଠାରୁ ଧନୀ ବ୍ୟକ୍ତି ହୋଇଥିବାବେଳେ ୫୬.୩ ବିଲିୟନ ସମ୍ପତ୍ତି ସହ ଆଦାନୀ ଗ୍ରୁପ୍ ଚେୟାରମ୍ୟାନ ଗୌତମ ଆଦାନୀ ହେଉଛନ୍ତି ଦେଶର ଦ୍ୱିତୀୟ ସବୁଠାରୁ ଧନୀ ବ୍ୟକ୍ତି। ତେବେ ବିଶ୍ୱର ୧୦ ସବୁଠାରୁ ଧନୀ ବ୍ୟକ୍ତିଙ୍କ ତାଲିକାରୁ ଅମ୍ବାନୀ ବାଦ୍ ପଡ଼ିଛନ୍ତି। ଏହି ରିପୋର୍ଟ ଅନୁଯାୟୀ, ଅମ୍ବାନୀ ବିଶ୍ୱର ୧୮ତମ ଧନୀ ବ୍ୟକ୍ତି ହୋଇଥିବାବେଳେ ଆଦାନୀ ହେଉଛନ୍ତି ବିଶ୍ୱର ୨୮ତମ ଧନୀ ବ୍ୟକ୍ତି। ଗତବର୍ଷର ଫୋର୍ବ୍ସ ତାଲିକା ଅନୁଯାୟୀ, ଅମ୍ବାନୀ ବିଶ୍ୱର ଅଷ୍ଟମ ଧନୀ ବ୍ୟକ୍ତି ଥିଲେ। ସେହିପରି ୩୫.୫ ବିଲିୟନ ଡଲାର ସମ୍ପତ୍ତି ସହ ଓପି ଜିନ୍ଦଲ ଗ୍ରୁପ୍‌ର ମୁଖ୍ୟ ସାବିତ୍ରୀ ଜିନ୍ଦଲ ହେଉଛନ୍ତି ଭାରତର ସବୁଠାରୁ ଧନୀ ମହିଳା। ସେହିପରି ବିଶ୍ୱର ଧନୀ ମହିଳାଙ୍କ ତାଲିକାରେ ସେ ଷଷ୍ଠ ସ୍ଥାନରେ ଥିବା ଏହି ରିପୋର୍ଟ କହିଛି।

## ନାଗାବଳୀ ଏକ୍ସପ୍ରେସ୍ ଲାଇନଚ୍ୟୁତ

ବିଜୟନଗରମ, ୨।୪

ଆନ୍ଧ୍ରପ୍ରଦେଶର ବିଜୟନଗରମ ରେଲୱେ ଷ୍ଟେଶନ ନିକଟରେ ନାଗାବଳୀ ଏକ୍ସପ୍ରେସ୍ ଲାଇନଚ୍ୟୁତ ହୋଇଛି। ମହାରାଷ୍ଟ୍ରର ନାନ୍ଦେଡ଼ରୁ ଓଡ଼ିଶାର ସମ୍ବଲପୁର ଅଭିମୁଖେ ଯାଉଥିବା ସମୟରେ ଭେଙ୍କଟଲକ୍ଷ୍ମୀ ଥିଏଟର ଜଙ୍କସନ ନିକଟରେ ନାଗାବଳୀ ଏକ୍ସପ୍ରେସ୍‌ର ଶେଷ ୨ଟି ବଗି ଟ୍ରାକ୍‌ରୁ ଖସି ପଡ଼ିଥିଲା। ଏହି ଦୁର୍ଘଟଣା ଘଟିଛି। ତେବେ ଟ୍ରେନ୍‌ଟି କମ୍ ଗତିରେ ଯାଉଥିବାରୁ କୌଣସି ଯାତ୍ରୀ ଆହତ ହୋଇ ନାହାନ୍ତି। ସୂଚନା ପାଇ ରେଳ କର୍ମଚାରୀମାନେ ଘଟଣାସ୍ଥଳରେ ପହଞ୍ଚିବା ସହ ଲାଇନଚ୍ୟୁତ ହୋଇଥିବା ଉଭୟ ବଗିକୁ ଟ୍ରେନ୍‌ରୁ ଅଲଗା କରିଥିଲେ।

## କଚ୍ଛାତିଭୁକୁ ଫେରାଇ ଆଣିବା ପାଇଁ ତାମିଲନାଡୁ ବିଧାନସଭାରେ ପ୍ରସ୍ତାବ ପାରିତ

ଚେନ୍ନାଇ, ୨।୪

ତାମିଲନାଡୁ ବିଧାନସଭାରେ ବୁଧବାର କଚ୍ଛାତିଭୁ ଦ୍ୱୀପକୁ ଫେରାଇ ଆଣିବା ପାଇଁ ଏକ ପ୍ରସ୍ତାବ ପାରିତ ହୋଇଛି। ବିଧାନସଭାରେ ଉପସ୍ଥିତ ସମସ୍ତ ଦଳର ସଦସ୍ୟ ଏହି ପ୍ରସ୍ତାବକୁ ସର୍ବସମ୍ମତି କ୍ରମେ ସମର୍ଥନ କରିଛନ୍ତି। ରାଜ୍ୟର ମତ୍ସ୍ୟଜୀବୀଙ୍କ ପାରମ୍ପରିକ ମତ୍ସ୍ୟ ଅଧିକାରର ସୁରକ୍ଷା ପାଇଁ ସ୍ଥାୟୀ ସମାଧାନ ଭାବେ କଚ୍ଛାତିଭୁ ଦ୍ୱୀପକୁ ଶ୍ରୀଲଙ୍କାଠାରୁ ଫେରାଇ ଆଣିବାକୁ ଏହି ପ୍ରସ୍ତାବରେ କେନ୍ଦ୍ର ସରକାରଙ୍କୁ ଅନୁରୋଧ କରାଯାଇଛି। ତାମିଲନାଡୁର ରାଜ୍ୟ ସରକାର କଚ୍ଛାତିଭୁ ଦ୍ୱୀପକୁ ଶ୍ରୀଲଙ୍କାକୁ ହସ୍ତାନ୍ତର କରିନାହାନ୍ତି ବୋଲି ଏହି ଅବସରରେ ମୁଖ୍ୟମନ୍ତ୍ରୀ ଏମ୍.କେ. ଷ୍ଟାଲିନ କହିଛନ୍ତି।


ଏମ୍.କେ. ଷ୍ଟାଲିନ

GOVERNMENT OF ODISHA
OFFICE OF THE CHIEF CONSTRUCTION ENGINEER,
RURAL WORKS CIRCLE, ANGUL
No.1025 // E-Mail: sencrwangul@yahoo.co.in,, Ph:06764-236404 Dt.29.3.25
1st Corrigendum to Bid Identification No. Building Online-AGL-26/2024-25
No.O-05:Due to some unavoidable circumstances the last date of Online for bidding and opening of the date has been modified as follows in respect of the tender for Building Work invited vide Tender Call Notice Bid Identification No. Building Online-AGL-26/2024-25 by the Procurement Officer Chief Construction Engineer, Rural Works Circle, Angul.

| Availability of Tender Online for Bidding | | Date & Time of Opening Technical Bid |
|---|---|---|
| From | To | |
| 1 | 2 | 3 |
| 24.03.2025 at 10.00 AM | 22.04.2025 upto 5.00 PM | 23.04.2025 at 09.00 AM |

All other terms and conditions remain unchanged.
OIPR-25180/11/0046/2425 Sd./- Chief Construction Engineer, Rural Works Circle, Angul

ODISHA MINING CORPORATION LIMITED
OMC House, Bhubaneswar - 751001, Odisha
CIN : U13100OR1956SGC000313, www.omcltd.in
OMC | ODISHA NEW OPPORTUNITIES — Mining Happiness
NIT No.06/OMC/CIVIL/2025
No.CAD-09 : Tender for the following works are invited on-line through e-procurement portal of Govt. of Odisha.

| Sl. No | Name of the work | Estimated cost (In lakh) | Time period of the work (in month) | Class of Contractor | EMD online (In Rupees) | Cost of Bid document (Rs.) |
|---|---|---|---|---|---|---|
| 1 | Restoration of leaking Roof of Head Office Building Campus-II (Former IDCOL) at Unit-2, Ashok Nagar, Bhubaneswar in the district of Khordha. | 27.88 | 03 (Three) | C & B | 27,900/- | 6,000/- + 18% GST |
| 2 | Renovation work of Sales & Marketing section in first floor of Annex Building at OMC HO, Bhubaneswar in the district of Khordha. | 22.33 | 04 (Four) | C & B | 22,400/- | 6,000/- + 18% GST |
| 3 | Restoration of leaking roof of Head Office Building (Campus-I) at Unit-IV, Bhubaneswar in the district of Khordha. | 25.52 | 03 (Three) | C & B | 25,600/- | 6,000/- + 18% GST |
| 4 | Integrated development of Gada Khordha in the district of Khordha. | 1836.13 | 14 (Fourteen) | A & Special | 18,36,200/- | 10,000/- + 18% GST |
| 5 | Construction of weighbridge approach CC road, RCC drain, Box cell culvert near ore plot at South Kaliapani mines in the district of Jajpur. | 192.50 | 08 (Eight) | B & A | 1,92,500/- | 10,000/- + 18% GST |
| 6 | Desilting of settling pond at different locations of Block-A & B Mines lease area of Gandhamardan Mines in the district of Keonjhar. | 21.34 | 06 (Six) | C&B | 21,400/- | 6,000/- + 18% GST |
| 7 | Installation, testing and commissioning of 55 KLD STP in MBBR technology at Gandhamardan Iron Ore Mines in the district of Keonjhar along with 05 years operation and maintenance contract. | 63.96 | 09 (Nine) | Bidders having experience in installation of STP and O&M as per eligibility criteria of DTCN shall be eligible to apply | 64,000/- | 10,000/- + 18% GST |

For the works as mentioned in Sl No. 1,2,3
0. Availability of Bid document in Govt. portal from dt. 04.04.2025 to 15.04.2025 up to 5.00 P.M.
1. Last date of on-line submission of tender in the portal is dt. 15.04.2025 up to 5.00 P.M.
2. Date of opening of Technical Bid is dt. 16.04.2025 at 11.00 A.M.
For the works as mentioned in Sl No. 4,5,6,7
3. Availability of Bid document in Govt. portal from dt. 11.04.2025 to 25.04.2025 up to 5.00 P.M.
4. Last date of on-line submission of tender in the portal is dt. 25.04.2025 up to 5.00 P.M.
5. Date of opening of Technical Bid is dt. 28.04.2025 at 11.00 A.M.
All other details can be seen from bid documents available at Govt. web site www.tendersodisha.gov.in. Odisha Mining Corporation Ltd. reserves the right to reject any or all tenders without assigning any reason thereof.
OIPR-30005/11/0172/2425 Sd./- General Manager (Civil)

ODISHA PUBLIC SERVICE COMMISSION
NOTICE
No. 2186/P.S.C., Dt. 02.04.2025
No.D-I : It is for information of all concerned that the candidates appearing the OCS Main (Written) Examination-2023, pursuant to Advt. No. 20 of 2023-24 scheduled from 19.04.2025 to 27.04.2025 are advised to mention the subject code in their Question-cum-Answer Booklets as follows :-

| Sl. No. | Name of Subjects/Papers | Subject Code |
|---|---|---|
| | Compulsory Papers | |
| 1. | Odia Language | 01 |
| 2. | English Language | 02 |
| 3. | Essay | 03 |
| 4. | General Studies, Paper-I | 04 |
| 5. | General Studies, Paper-II | 05 |
| 6. | General Studies, Paper-III | 06 |
| 7. | General Studies, Paper-IV | 07 |

| Sl. No. | Name of Subjects/Papers | Subject Code |
|---|---|---|
| | Optional Papers | |
| 8. | Agriculture, Paper-I | 08 |
| 9. | Agriculture, Paper-II | 09 |
| 10. | Agriculture Engineering, Paper-I | 10 |
| 11. | Agriculture Engineering, Paper-II | 11 |
| 12. | Animal Husbandry & Veterinary Science, Paper-I | 12 |
| 13. | Animal Husbandry & Veterinary Science, Paper-II | 13 |
| 14. | Anthropology, Paper-I | 14 |
| 15. | Anthropology, Paper-II | 15 |
| 16. | Botany, Paper-I | 16 |
| 17. | Botany, Paper-II | 17 |
| 18. | Chemistry, Paper-I | 18 |
| 19. | Chemistry, Paper-II | 19 |
| 20. | Civil Engineering, Paper-I | 20 |
| 21. | Civil Engineering, Paper-II | 21 |
| 22. | Commerce & Accountancy, Paper-I | 22 |
| 23. | Commerce & Accountancy, Paper-II | 23 |
| 24. | Economics, Paper-I | 24 |
| 25. | Economics, Paper-II | 25 |
| 26. | Education, Paper-I | 26 |
| 27. | Education, Paper-II | 27 |
| 28. | Electrical Engineering, Paper-I | 28 |
| 29. | Electrical Engineering, Paper-II | 29 |
| 30. | Fishery Science, Paper-I | 30 |
| 31. | Fishery Science, Paper-II | 31 |
| 32. | Forestry, Paper-I | 32 |
| 33. | Forestry, Paper-II | 33 |
| 34. | Geography, Paper-I | 34 |
| 35. | Geography, Paper-II | 35 |
| 36. | Geology, Paper-I | 36 |
| 37. | Geology, Paper-II | 37 |
| 38. | History, Paper-I | 38 |
| 39. | History, Paper-II | 39 |
| 40. | Home Science, Paper-I | 40 |
| 41. | Home Science, Paper-II | 41 |
| 42. | Law, Paper-I | 42 |
| 43. | Law, Paper-II | 43 |
| 44. | Management, Paper-I | 44 |
| 45. | Management, Paper-II | 45 |
| 46. | Mathematics, Paper-I | 46 |
| 47. | Mathematics, Paper-II | 47 |
| 48. | Mechanical Engineering, Paper-I | 48 |
| 49. | Mechanical Engineering, Paper-II | 49 |
| 50. | Medical Science, Paper-I | 50 |
| 51. | Medical Science, Paper-II | 51 |
| 52. | Philosophy, Paper-I | 52 |
| 53. | Philosophy, Paper-II | 53 |
| 54. | Physics, Paper-I | 54 |
| 55. | Physics, Paper-II | 55 |
| 56. | Political Science & International Relations, Paper-I | 56 |
| 57. | Political Science & International Relations, Paper-II | 57 |
| 58. | Psychology, Paper-I | 58 |
| 59. | Psychology, Paper-II | 59 |
| 60. | Public Administration, Paper-I | 60 |
| 61. | Public Administration, Paper-II | 61 |
| 62. | Sociology, Paper-I | 62 |
| 63. | Sociology, Paper-II | 63 |
| 64. | Statistics, Paper-I | 64 |
| 65. | Statistics, Paper-II | 65 |
| 66. | Zoology, Paper-I | 66 |
| 67. | Zoology, Paper-II | 67 |
| | Indian Language & Literature Papers | |
| 68. | English, Paper-I | 68 |
| 69. | English, Paper-II | 69 |
| 70. | Hindi, Paper-I | 70 |
| 71. | Hindi, Paper-II | 71 |
| 72. | Odia, Paper-I | 72 |
| 73. | Odia, Paper-II | 73 |

The candidates are advised to visit the website of the Commission at www.opsc.gov.in regularly for further information.
OIPR-12002/11/0181/2425 Sd./- Secretary

## ନିଶା ସେବନକୁ ବିରୋଧ କରିବାରୁ ବଚସା, ପରେ ଅଘଟଣ

# ସ୍ତ୍ରୀଙ୍କୁ ଟାଙ୍ଗିଆରେ ହାଣି ହତ୍ୟା

ନିଶା ସେବନ ଅନେକଙ୍କ ସଂସାରରେ ଝଡ଼ ସୃଷ୍ଟି କରୁଛି। ପରିବାରର ସମସ୍ୟା ସମାଧାନ କରିବା ପରିବର୍ତ୍ତେ ନିଶା ସେବନରେ ବୁଡ଼ି ରହୁଛନ୍ତି ପରିବାର ମୁଖ୍ୟ। ଏଥିଯୋଗୁ ପରିବାରରେ ଅନେକ ସମୟରେ ଗଣ୍ଡଗୋଳ ସୃଷ୍ଟି ହେଉଛି। ଆଉ ଏହି ଗଣ୍ଡଗୋଳ ଉଗ୍ରରୂପ ନେଇ କେତେବେଳେ ସ୍ୱାମୀ ସ୍ତ୍ରୀଙ୍କ ଜୀବନ ନେଉଛି ତ' କେତେବେଳେ ସ୍ତ୍ରୀ ସ୍ୱାମୀଙ୍କ ଜୀବନ ନେବାକୁ ପଛାଉ ନାହାନ୍ତି। ଏପରି କି ଅନେକ କ୍ଷେତ୍ରରେ ପିଲାମାନେ ମଧ ମା'ବାପାଙ୍କ ଜୀବନ ନେଇଯାଉଛନ୍ତି। ଏଭଳି ଘଟଣା ବିଭିନ୍ନ ସମୟରେ ରାଜ୍ୟରେ ଘଟୁଥିବାବେଳେ ଏହା ଥମିବାର ନାଁ ନେଉନାହିଁ। ମଙ୍ଗଳବାର ରାତିରେ ବଲାଙ୍ଗୀର ଜିଲା ଦେଓଗାଁ ଥାନା ଅନ୍ତର୍ଗତ ଅନ୍ତର୍ଲା ଗ୍ରାମରେ ନିଶାଗ୍ରସ୍ତ ସ୍ୱାମୀଙ୍କୁ ମଦ୍ୟପାନ କରିବାକୁ ବାରଣ କରିବାରୁ ଉଭୟଙ୍କ ମଧରେ ପାଟିତୁଣ୍ଡ ହୋଇଥିଲା। ଏପରି କି ସ୍ତ୍ରୀ ରାତିରେ ଶୋଇଥିବାବେଳେ କ୍ରୋଧରେ ଜର୍ଜରିତ ସ୍ୱାମୀ ତାଙ୍କୁ ଟାଙ୍ଗିଆରେ ହାଣି ହତ୍ୟା କରିଛନ୍ତି। ପୋଲିସ ଅଭିଯୁକ୍ତ ସ୍ୱାମୀ ଗୌତମ ବିଶ୍ୱାଳ(୪୧)ଙ୍କୁ ଗିରଫ କରିଛି। ଏଭଳି ଘଟଣା ପରେ ତାଙ୍କର ୨ ପିଲା ଏବେ ମା'ଛେଉଣ୍ଡ ହୋଇଯାଇଛନ୍ତି।



ଅତିରିକ୍ତ ଏସ୍‌ପି ଖବରଦାତା ସମ୍ମିଳନୀରେ ସୂଚନା ଦେଉଛନ୍ତି।

### ପୂର୍ବରୁ ଘଟିଥିବା କେତେକ ଘଟଣା

**୨୦୨୫ ମାର୍ଚ୍ଚ ୨:** ରାତିରେ ଯାଜପୁର ଜିଲା ସୁକିନ୍ଦା ଥାନା ସଂସାଇଲୋ ଗ୍ରାମରେ ଜଣେ ମହିଳା ତାଙ୍କ ସ୍ୱାମୀଙ୍କୁ ହତ୍ୟା କରିଥିଲେ। ସ୍ୱାମୀ ମଦ୍ୟପାନ କରି ଘରେ ସବୁବେଳେ ଅଶାନ୍ତି ସୃଷ୍ଟି କରୁଥିଲେ। ତାଙ୍କୁ ଯେତେ ବୁଝାଇଲେ ବି ସେ ବୁଝୁ ନ ଥିଲେ। ଶେଷରେ ଅତିଷ୍ଠ ହୋଇ ସ୍ତ୍ରୀ ଢୁମାରି ସ୍ୱାମୀ ବାବୁଲି ମୁଣ୍ଡାଙ୍କୁ ହତ୍ୟା କରିବା ପରେ ଘର ପଛପଟେ ମୃତଦେହକୁ ପୋତି ଦେଇଥିଲେ। ପରେ ପୋଲିସ ଘଟଣାର ତଦନ୍ତ କରିବା ସହ ଅଭିଯୁକ୍ତ ସ୍ତ୍ରୀ ଢୁମାରିଙ୍କୁ ଗିରଫ କରିଥିଲା।

**୨୦୨୫ ଫେବୃଆରୀ ୭:** କଳାହାଣ୍ଡି ଜିଲା କୋକସରା ବ୍ଲକ ଆମପାଣି ଥାନା ମୁନୁଗାପଦର ଗ୍ରାମରେ ଜଣେ ନିଶାସକ୍ତ ବ୍ୟକ୍ତିଙ୍କୁ ତାଙ୍କ ୨ପୁଅ ଏବଂ ସ୍ତ୍ରୀ ହତ୍ୟା କରିଥିଲେ। ୫୦ ବର୍ଷୀୟ ଯଦୁ ଦଳପତି ଅଧିକାଂଶ ସମୟରେ ନିଶା ସେବନ କରି ସ୍ତ୍ରୀ ରୁକ୍ମିଣୀ ଦଳପତିଙ୍କୁ ମାଡ଼ ମାରିବା ସହ ଗଣ୍ଡଗୋଳ କରୁଥିଲେ। ଘଟଣା ଦିନ ସେ ମଦ ପିଇ ସ୍ତ୍ରୀଙ୍କୁ ଗାଳିଗୁଲଜ ସହ ମାଡ଼ ମାରିଥିଲେ। ଏହା ଦେଖି ବଡପୁଅ ଧନେଶ୍ୱର ଦଳପତି ଓ ସାନପୁଅ ଫକୀର ତାଙ୍କୁ ରଶିରେ ବାନ୍ଧି ଏକ ଠେଙ୍ଗାରେ ମୁଣ୍ଡକୁ ପ୍ରହାର କରିବାରୁ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଥିଲା। ପରେ ଦୁଇପୁଅ ଧୋବେନ ଚଞ୍ଚରାରେ ରହୁଥିବା ଯଦୁଙ୍କ ଜ୍ୱାଇଁ କ୍ଷୀରସିନ୍ଧୁଙ୍କୁ ଡକାଇ ପ୍ରମାଣ ନଷ୍ଟ ପାଇଁ ବାଡ଼ି ପଟେ ଗାତ ଖୋଳି ଯଦୁଙ୍କ ମୃତଦେହ ପୋତିଦେଇଥିଲେ।

**୨୦୨୩ ଅକ୍ଟୋବର ୧୦:** କେନ୍ଦୁଝର ଟାଉନ ଥାନା ଅନ୍ତର୍ଗତ କୋଡିପଶା ଗ୍ରାମରେ ନିଶା ସେବନକୁ ନେଇ ସୃଷ୍ଟ ପାରିବାରିକ କଳହରେ ଅତିଷ୍ଠ ହୋଇ ସୁନୀତା ଜୁଆଙ୍ଗ ନାମ୍ନୀ ଜଣେ ମହିଳା ତାଙ୍କ ସ୍ୱାମୀଙ୍କୁ ଘର ଭିତରେ ହତ୍ୟା କରିଥିଲେ। ଏପରି କି ହତ୍ୟା ପରେ ୩ଦିନ ପର୍ଯ୍ୟନ୍ତ ମୃତଦେହ ନିକଟରେ ସୁନୀତା ଜଗି ରହିଥିଲେ। ପରେ ପଡ଼ୋଶୀ ଜାଣି ପୋଲିସକୁ ଖବର ଦେଇଥିଲେ। ପୋଲିସ ମୃତଦେହ ଜବତକରି ସୁନୀତାଙ୍କୁ ଗିରଫ କରିଥିଲା।

**୨୦୨୦ ମେ' ୧୭:** ବ୍ରହ୍ମପୁର ସଦର ପୋଲିସ ସ୍ୱାମୀଙ୍କୁ ହତ୍ୟା ଘଟଣାରେ ଜଣେ ମହିଳାଙ୍କୁ ଗିରଫ କରିଥିଲା। ଅଭିଯୁକ୍ତ ମହିଳା ସୁନୀତା ବେହେରାଙ୍କ ସ୍ୱାମୀ ବନମାଳୀ ବେହେରା ଅଳିଆ ଗୋଟାଳି ଭାବେ କାର୍ଯ୍ୟ କରନ୍ତି। ଯାହା ରୋଜଗାର ହୁଏ, ସେଥିରୁ ପ୍ରାୟ ଟଙ୍କାରେ ମଦ୍ୟପାନ କରନ୍ତି। ଏପରି କି ମଦ୍ୟପାନ କରି ପରିବାରରେ ସବୁବେଳେ ଅଶାନ୍ତି ସୃଷ୍ଟି କରନ୍ତି। ଏଥିରେ ଅତିଷ୍ଠ ହୋଇ ସୁନୀତା ବନମାଳୀଙ୍କୁ ହତ୍ୟା କରିଥିଲେ। ପୋଲିସ ସୁନୀତାଙ୍କୁ ଗିରଫ କରି ଜେଲ ପଠାଇବା ପରେ ତାଙ୍କ ୫ପିଲା ବେସାହାରା ହୋଇଯାଇଥିଲେ।

**୨୦୧୮ ଏପ୍ରିଲ ୨୩:** କେନ୍ଦୁଝର ଜିଲା ବାମବେରୀ ଥାନା ଅଞ୍ଚଳରେ ଜଣେ ନିଶାସକ୍ତ ବ୍ୟକ୍ତି ତାଙ୍କ ସ୍ତ୍ରୀଙ୍କୁ ହତ୍ୟା କରିଥିଲେ। ଘଟଣା ରାତିରେ ଅଭିଯୁକ୍ତ ସ୍ୱାମୀ ବିଷ୍ଣୁ ମୁଣ୍ଡା ମଦ୍ୟପାନ କରି ଘରକୁ ଫେରି ସ୍ତ୍ରୀଙ୍କ ସହ ପାଟିତୁଣ୍ଡ କରିଥିଲେ। ଏନେଇ ସ୍ତ୍ରୀ ରାଗିଯିବା ସହ ସ୍ୱାମୀଙ୍କୁ ଖାଇବାକୁ ଦେବାକୁ ମନା କରିଦେଇଥିଲେ। ଏଥିରେ ଉତ୍‌କ୍ଷିପ୍ତ ହୋଇ ବିଷ୍ଣୁ ଏକ ବାଉଁଶରେ ସ୍ତ୍ରୀଙ୍କ ମୁଣ୍ଡକୁ ପିଟିଦେଇଥିଲେ। ଫଳରେ ଘଟଣାସ୍ଥଳରେ ସ୍ତ୍ରୀ ଦାସମଣିଙ୍କ ମୃତ୍ୟୁ ହୋଇଥିଲା। ପୋଲିସ ନିକଟରେ ବିଷ୍ଣୁ ନିଜ ଦୋଷ ସ୍ୱୀକାର କରିଥିଲେ। ପୋଲିସ ଏକ ହତ୍ୟା ମାମଲା ରୁଜୁ କରି ବିଷ୍ଣୁଙ୍କୁ କୋର୍ଟ ଚାଲାଣ କରିଥିଲା।

**ବଲାଙ୍ଗୀର/ଦେଓଗାଁ, ୨।୪(ବୀରେନ୍ଦ୍ର କୁମାର ଝାଙ୍କର/କୃଷ୍ଣପ୍ରସାଦ ପାଣିଗ୍ରାହୀ)**

ଅନ୍ତର୍ଲା ନିବାସୀ ଗୌତମ ପ୍ରାୟ ୧୪ ବର୍ଷ ତଳେ ସୁବର୍ଣ୍ଣପୁର ଜିଲା ତରଭା ଥାନା ଅଧୀନ ଅର୍ଡା ଗାଁର ଅମୂଲ୍ୟ ବିଶ୍ୱାଳ (୩୬)ଙ୍କୁ ବିବାହ କରିଥିଲେ। ସେମାନଙ୍କ ୨ ନାବାଳକ ସନ୍ତାନ ଅଛନ୍ତି। ଦିନମଜୁରିଆ ଭାବେ କାମ କରୁଥିବା ଗୌତମ ଅନେକ ସମୟରେ ମଦ୍ୟପାନ କରି ସ୍ତ୍ରୀ ସହ ଝଗଡ଼ା କରୁଥିଲେ। ସେମାନଙ୍କ ମଧରେ ଦୀର୍ଘଦିନ ହେଲା ପାରିବାରିକ କଳହ ଲାଗି ରହିଥିଲା। ମଙ୍ଗଳବାର ରାତିରେ ଅମୂଲ୍ୟ ଶୋଇଥିବାବେଳେ ବିଳମ୍ବିତ ରାତିରେ ଗୌତମ ଏକ ଟାଙ୍ଗିଆରେ ତାଙ୍କୁ ହତ୍ୟା କରିଥିବା ପ୍ରାରମ୍ଭିକ ତଦନ୍ତରୁ ଜଣାପଡ଼ିଥିବା ଅତିରିକ୍ତ ଏସ୍‌ପି ଆଲୋକ ଜେନା ଏକ ଖବରଦାତା ସମ୍ମିଳନୀରେ ସୂଚନା ଦେଇଛନ୍ତି।

ଅମୂଲ୍ୟଙ୍କ ଭାଇ କନ୍ଦର୍ପ ମଲ୍ଲିକ କରିଥିବା ଅଭିଯୋଗ ଅନୁସାରେ, ଅଭିଯୁକ୍ତ ଗୌତମ ଦୀର୍ଘଦିନ ହେଲା ସ୍ତ୍ରୀଙ୍କୁ ନିର୍ଯାତନା ଦେବା ସହ ମାରପିଟ କରି ଆସୁଥିଲେ। ଶେଷରେ ସେ ତାଙ୍କୁ ହତ୍ୟା କରିଛନ୍ତି। ବୁଧବାର ସକାଳେ ଏହି ହତ୍ୟାକାଣ୍ଡ ସମ୍ପର୍କରେ ଜଣାପଡ଼ିଥିଲା। ଖବରପାଇ ଦେଓଗାଁ ପୋଲିସ ମାଜିଷ୍ଟ୍ରେଟ୍ ଦାୟିତ୍ୱରେ ଥିବା ଅତିରିକ୍ତ ତହସିଲଦାର ସୋମକେଶ ନାୟକଙ୍କ ସହ ଘଟଣାସ୍ଥଳକୁ ଯାଇ ତଦନ୍ତ ଆରମ୍ଭ କରିଥିଲେ। ସାଇଣ୍ଟିଫିକ୍ ଟିମ୍ ସେଠାରେ ଛାନ୍‌ଭିନ୍ କରିବା ସହ ହତ୍ୟାକାଣ୍ଡରେ ବ୍ୟବହୃତ ଟାଙ୍ଗିଆ ଜବତ କରିଥିଲେ। ଏହାଛଡ଼ା ଦେଓଗାଁ ଥାନା ଅଧିକାରୀ ବୁଲୁ ମୁଣ୍ଡାଙ୍କ ନେତୃତ୍ୱରେ ପୋଲିସ ଟିମ୍ ଅଭିଯୁକ୍ତ ସ୍ୱାମୀ ଗୌତମଙ୍କୁ ଘଟଣାସ୍ଥଳକୁ ନେଇ ସିନ୍ ରିକ୍ରିଏଶନ କରିଥିଲା। ପରେ ଗୌତମଙ୍କୁ କୋର୍ଟ ଚାଲାଣ କରାଯାଇଥିଲା। କୋର୍ଟରେ ଜାମିନ ନାମଞ୍ଜୁର ହେବାରୁ ତାଙ୍କୁ ବିଚାରବିଭାଗୀୟ ହାଜତକୁ ପଠାଯାଇଥିବା ଜଣାପଡ଼ିଛି। ଅମୂଲ୍ୟଙ୍କ ମୃତଦେହ ପୋଲିସ ଜବତକରି ବ୍ୟବଚ୍ଛେଦ ପାଇଁ ଭୀମ ଭୋଇ ମେଡିକାଲ କଲେଜ ହସ୍ପିଟାଲକୁ ପଠାଇଥିଲା। ବ୍ୟବଚ୍ଛେଦ ପରେ ମୃତଦେହକୁ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଛି। ଏ ନେଇ ଦେଓଗାଁ ଥାନାରେ ଏକ ମାମଲା (ନଂ. ୧୦୪/୨୦୨୫) ରୁଜୁ ହୋଇଛି। ନିଶାସେବନକୁ ନେଇ ପରିବାରରେ ବିବାଦ ସୃଷ୍ଟି ହୋଇ ଏଭଳି ଅଘଟଣ ଘଟିବା ରାଜ୍ୟରେ ଅନେକ ସମୟରେ ଦେଖିବାକୁ ମିଳିଛି। ସଚେତନତା ଅଭାବରୁ ଲୋକମାନେ ନିଜର ହିତାହିତ ଜ୍ଞାନ ଭୁଲିଯାଇ ଏଭଳି କାଣ୍ଡ ଭିଆଉଛନ୍ତି ବୋଲି ମନସ୍ତତ୍ତ୍ୱବିତ୍ ମତପ୍ରକାଶ କରିଛନ୍ତି।

# ଆଇଫୋନ ପାଇଁ ସାଙ୍ଗକୁ ହତ୍ୟା

## ଜନ୍ମଦିନ ଅବସରରେ ବୁଲିବାକୁ ଯାଇ ଫେରିଲେନି

ସପ୍ତଦଶ ଜନ୍ମ ଦିବସ ପାଳନର ଦିନକ ପରେ ସାଙ୍ଗମାନଙ୍କ ସହ ବୁଲିବାକୁ ଯିବାକୁ କହି ଘରୁ ବାହାରିଥିଲେ। ହେଲେ ଆଉ ଫେରିଲେନି। ପରେ ମୃତଦେହ ଖଣ୍ଡବିଖଣ୍ଡିତ ଅବସ୍ଥାରେ ଜବତ ହେଲା। ଆଇଫୋନ୍-୧୧ ମୋବାଇଲ୍ ନ ଦେବାରୁ ଜଣେ ନାବାଳକ ସାଙ୍ଗ ଏଭଳି ଘଟଣା ଘଟାଇଥିବା ଜଣାପଡ଼ିଛି। ପୋଲିସ ଅଭିଯୁକ୍ତ ନାବାଳକ ସାଙ୍ଗକୁ ଧରି ଜୁଭେନାଇଲ କୋର୍ଟକୁ ପଠାଇଛି। ଏଭଳି ଏକ ଘଟଣା ପଞ୍ଜାବ ପଟିଆଲା ଅଞ୍ଚଳରେ ଘଟିଛି।



ମୃତ ନଭଜୋତ୍ ସିଂ

**ପଟିଆଲା(ପଞ୍ଜାବ), ୨।୪**

ପଞ୍ଜାବ ପଟିଆଲାର ନଭଜୋତ୍ ସିଂ ଗତ ୨୪ତାରିଖରେ ନିଜର ୧୭ଶ ଜନ୍ମ ଦିବସ ପରିବାର ଲୋକଙ୍କ ସହ ମିଶି ପାଳନ କରିଥିଲେ। ଏହାର ଦିନକ ପରେ ସାଙ୍ଗମାନଙ୍କ ସହ ହରିଦ୍ୱାର ବୁଲିବାକୁ ଯାଉଛି ବୋଲି କହି ଘରୁ ବାହାରିଥିଲେ। ପରେ ସେ ହରିଦ୍ୱାର ଯାଉନାହାନ୍ତି ଏବଂ ଘରକୁ ଫେରୁଛନ୍ତି ବୋଲି ପରିବାର ଲୋକଙ୍କୁ ଫୋନ କରି ଜଣାଇଥିଲେ। ହେଲେ ଫେରି ନ ଥିଲେ। ସେହି ଦିନ ରାତିରେ ଏକ ଖଣ୍ଡବିଖଣ୍ଡିତ ମୃତଦେହ ରେଳଷ୍ଟେଶନ ନିକଟରେ ପଡ଼ିଥିବା ନେଇ ପୋଲିସ ଖବର ପାଇଥିଲା। ଉକ୍ତ ମୃତଦେହ ୨ଖଣ୍ଡ ହୋଇଯାଇଥିବାବେଳେ ଶରୀରର ବିଭିନ୍ନ ସ୍ଥାନରେ କଟାଦାଗ ରହିଥିବା ଦେଖିବାକୁ ମିଳିଥିଲା। ମୃତଦେହ ଚିହ୍ନଟ କରାଯାଇ ନ ପାରିବାରୁ ପୋଲିସ ଏହାର ପୋଷ୍ଟର ନିକଟସ୍ଥ ଅଞ୍ଚଳରେ ମାରିଥିଲା। ମାର୍ଚ୍ଚ ୩୦ତାରିଖ ଦିନ ନଭଜୋତଙ୍କ ବାପା ହରଜିନ୍ଦର ସିଂ ପୁଅକୁ ନ ପାଇ ପୋଲିସ ନିକଟରେ ପହଞ୍ଚିବା ପରେ ମୃତଦେହ ଚିହ୍ନଟ ହୋଇଥିଲା। ତଦନ୍ତ ସମୟରେ ନଭଜୋତଙ୍କୁ ତାଙ୍କ ସାଙ୍ଗ ଅମନଜୋତ ହତ୍ୟା କରିଥିବା ପୋଲିସ ଜାଣିବାକୁ ପାଇଥିଲା। ନଭଜୋତ ବ୍ୟବହାର କରୁଥିବା ଆଇଫୋନ-୧୧କୁ ଅମନଜୋତଙ୍କ ଠାରୁ ଜବତ କରାଯାଇଥିଲା। ଆଇଫୋନ ନେବାକୁ ଅମନଜୋତ ତାଙ୍କ ସାଙ୍ଗ ନଭଜୋତଙ୍କୁ ହତ୍ୟା କରି ଜଣେ ସାଙ୍ଗ ସହଯୋଗରେ ଟ୍ରେନ୍ ଲାଇନରେ ପକାଇ ଦେଇଥିଲେ। ଏପରି କି ସହଯୋଗ ପାଇଁ ଅମନଜୋତ ତାଙ୍କ ସାଙ୍ଗକୁ ହଜାରେ ଟଙ୍କା ଦେଇଥିଲେ ବୋଲି ଜଣାପଡ଼ିଛି। ଅମନଜୋତ ନାବାଳକ ହୋଇଥିବାରୁ ପୋଲିସ ତାଙ୍କୁ ଜୁଭେନାଇଲ କୋର୍ଟରେ ହାଜର କରିଛି।

# ଚାକିରି ଦେବାକୁ କହି ଠକେଇ, ନକଲି ଇନ୍ସପେକ୍ଟର ଗିରଫ



ଗିରଫ ଅଭିଯୁକ୍ତ, ଜବତ ନକଲି ପୋଲିସ ପୋଷାକ ଏବଂ ପରିଚୟ ପତ୍ର।

**କଟକ, ୨।୪(କାର୍ତ୍ତିକ ସାହୁ)**

ପୋଲିସ ଇନ୍ସପେକ୍ଟର ପରିଚୟ ଦେଇ ଠକେଇ କରିବା ଅଭିଯୋଗରେ ବାଦାମବାଡ଼ି ପୋଲିସ ଜଣେ ଯୁବକଙ୍କୁ ଗିରଫ କରି ବୁଧବାର କୋର୍ଟ ଚାଲାଣ କରିଛି। ସେ ହେଲେ କଟକ ଜିଲା ତିଗିରିଆ ଥାନା ଅନ୍ତର୍ଗତ ନୂଆପାଟଣା ଗ୍ରାମର ଗୁଣ୍ଡିଚା ଦଳେଇ(୨୭)। ତାଙ୍କ ନିକଟରୁ ଏକ ଲାପ୍‌ଟପ୍, ୫ଟି ମୋବାଇଲ ଫୋନ୍, ନକଲି ଆଇ କାର୍ଡ, ପୋଲିସ ପୋଷାକ, ଟୋପି, ନାମଫଳକ, ଷ୍ଟାର, ଲୋଗୋ, ପୋଲିସ ଷ୍ଟାମ୍ପ, ଚେକ୍‌ବୁକ୍ ଆଦି ଜବତ କରାଯାଇଛି। ଏଥିସହ ତାଙ୍କ ଆକାଉଣ୍ଟରେ ଥିବା ୪ ଲକ୍ଷ ଟଙ୍କାକୁ ଫ୍ରିଜ୍ କରାଯାଇଛି ବୋଲି କଟକ ଡିସିପି ଅଫିସ୍‌ରେ ବୁଧବାର ଅପରାହ୍ନରେ ଆୟୋଜିତ ଖବରଦାତା ସମ୍ମିଳନୀରେ ଡିସିପି ଖିଲାରୀ ଋଷିକେଶ ଦ୍ୟାନ୍‌ଦେଓ ସୂଚନା ଦେଇଛନ୍ତି। ଏଥିସହ ଚାକିରି ଆଶାୟୀମାନେ ଏଭଳି ଠକମାନଙ୍କ ପ୍ରତି ସତର୍କ ରହିବା ସହ ସେମାନଙ୍କୁ ବିଶ୍ୱାସ ନ କରିବାକୁ କହିଛନ୍ତି। ସରକାରୀ ନିଯୁକ୍ତି ସ୍ୱଚ୍ଛ ଭାବେ ହୋଇଥାଏ। ତେଣୁ କେହି ଏଭଳି ପ୍ରତିଶ୍ରୁତି ଦେଇ ଟଙ୍କା ମାଗିଲେ ତୁରନ୍ତ ନିକଟସ୍ଥ ଥାନାରେ ଜଣାଇବାକୁ ଡିସିପି କହିଛନ୍ତି।

ସୂଚନାନୁସାରେ, ଠକାମିର ଶିକାର ହୋଇଥିବା ପୀଡ଼ିତ ଜଣଙ୍କ କଟକ ନେତାଜୀ ବସ୍ ଟର୍ମିନାଲରେ ଜଣେ ସିକ୍ୟୁରିଟ୍ ଗାର୍ଡ ଭାବେ କାର୍ଯ୍ୟ କରନ୍ତି। ସେ ହୋମ୍‌ଗାର୍ଡ ଚାକିରି ନିମନ୍ତେ ଆବେଦନ କରିଥିଲେ। ଇତିମଧରେ ସେ ଅଭିଯୁକ୍ତ ଗୁଣ୍ଡିଚାଙ୍କ ସଂସ୍ପର୍ଶରେ ଆସିଥିଲେ। ଅଭିଯୁକ୍ତ ଗ୍ରାମାଞ୍ଚଳ ଏସ୍‌ପି ଅଫିସରେ ଇନ୍ସପେକ୍ଟର ଥିବା କହି ତାଙ୍କୁ ପ୍ରଭାବିତ କରିଥିଲେ। ତାଙ୍କୁ ନିଜର ପୋଲିସ ୟୁନିଫର୍ମ ଓ ଆଇକାର୍ଡ ମଧ ଦେଖାଇଥିଲେ। ଏଥିସହ ହୋମ୍‌ଗାର୍ଡ ଚାକିରି କରାଇଦେଲେ ୧.୫ ଲକ୍ଷ ଟଙ୍କା ନେବାକୁ ଦାବି କରିଥିଲେ। ଅଭିଯୁକ୍ତଙ୍କ କଥାରେ ବିଶ୍ୱାସ କରି ପୀଡ଼ିତ ତାଙ୍କୁ ପ୍ରାଥମିକ ଭାବେ ୧୦ ହଜାର ଟଙ୍କା ଦେଇଥିଲେ। ପରବର୍ତ୍ତୀ ସମୟରେ ସେ ଠକାମିର ଶିକାର ହୋଇଥିବା ଜାଣିବାକୁ ପାଇଲେ। ଏନେଇ ସେ ବାଦାମବାଡ଼ି ଥାନାରେ ଅଭିଯୋଗ କରିଥିଲେ।

# ଝିଅକୁ ହେମଦସ୍ତାରେ ପିଟି ଆତ୍ମହତ୍ୟା କଲେ ବାପା

**ଚାନ୍ଦବାଲି, ୨।୪(କିଷାନ ପାତ୍ର)**

ଭଦ୍ରକ ଜିଲା ଚାନ୍ଦବାଲି ବ୍ଲକ ବାଁଶଡ଼ା ଥାନା ଅଧୀନ ତୋଟାପଡ଼ା ଗାଁର ଜେନାସାହିରେ ବୁଧବାର ଏକ ଅଭାବନୀୟ ଘଟଣା ଘଟିଛି। ଅଷ୍ଟମ ଶ୍ରେଣୀରେ ପଢୁଥିବା ଝିଅକୁ ହେମଦସ୍ତାରେ ପିଟି ଗୁରୁତର କରିବା ପରେ ବାପା ଆତ୍ମହତ୍ୟା କରିବା ଘଟଣା ଚର୍ଚ୍ଚାର ବିଷୟ ପାଲଟିଛି।

ସୂଚନା ମୁତାବକ, ତୋଟାପଡ଼ା ଗାଁ ଜେନାସାହିର ସୁରେନ୍ଦ୍ର ଜେନା ଅପରାହ୍ନରେ କୌଣସି କାରଣରୁ ରାଗିଯାଇ ଅଷ୍ଟମ ଶ୍ରେଣୀରେ ପଢୁଥିବା ତାଙ୍କ ଝିଅ ଗୀତାଞ୍ଜଳିଙ୍କୁ ହେମଦସ୍ତାରେ ପିଟି ଗୁରୁତର କରିଥିଲେ। ପରେ ମାନସିକ ଭାରସାମ୍ୟ ହରାଇ ଏକ ଗଛରେ ବେକରେ ଫାଶୀ ଲଗାଇ ଆତ୍ମହତ୍ୟା କରିଥିଲେ। ଗୀତାଞ୍ଜଳିଙ୍କୁ ଗୁରୁତର ଅବସ୍ଥାରେ ପଡ଼ୋଶୀମାନେ ଉଦ୍ଧାର କରି ପ୍ରଥମେ ତିହିଡ଼ି ମେଡିକାଲ ଓ ପରେ ଭଦ୍ରକ ମୁଖ୍ୟ ଚିକିତ୍ସାଳୟକୁ ଚିକିତ୍ସା ପାଇଁ ପଠାଇଛନ୍ତି। ଘଟଣାସ୍ଥଳରେ ଘଣ୍ଟେଶ୍ୱର ଫାଣ୍ଡି ପୋଲିସ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଉଲ୍ଲେଖଯୋଗ୍ୟ, କିଛି ମାସ ହେବ ସୁରେନ୍ଦ୍ରଙ୍କ ସ୍ତ୍ରୀ ନିଖୋଜ ଥିବାରୁ ବାପା ଝିଅ ଘରେ ରହୁଥିଲେ।




(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା-ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)

**ଦେହଟି ସରୁଆ ମୁହଁଟି ଚେପା**
**ଏହାକୁ ପରତେ ନ ଯିବ ବାପା।**

ଅପେକ୍ଷାକୃତ ଶରୀର ପତଳା ଥିବା ବ୍ୟକ୍ତି ବିଶ୍ୱାସଯୋଗ୍ୟ ହୋଇ ନ ଥାନ୍ତି। ତାଙ୍କର ମନ ଆଦୌ ଖୋଲା ନ ଥାଏ। ସେହିପରି ମୁହଁର ଆକୃତି ସାମାନ୍ୟ ବଙ୍କା ଥିବା ବ୍ୟକ୍ତି ମଧ ଭରସାଯୋଗ୍ୟ ହୋଇ ନ ଥାନ୍ତି। ଏହି ଧରଣର ବ୍ୟକ୍ତିଙ୍କୁ ବିଶ୍ୱାସରେ ନେବା ଅନୁଚିତ ଅର୍ଥରେ ଏଭଳି ଉକ୍ତି ଉଲ୍ଲେଖ କରାଯାଇଛି।

**ଦୁଧ ଘଡ଼ିକି ଆଶା**
**ପୁଅ ମୁଣ୍ଡକୁ ଆଶା।**

କୃପଣ ବ୍ୟକ୍ତି ହାତରୁ ଟଙ୍କାଟିଏ ବି ଖର୍ଚ୍ଚ କରିବାକୁ ଚାହିଁ ନ ଥାନ୍ତି। ଖର୍ଚ୍ଚ କଥା ପଡ଼ିଲେ ଦେହରୁ ରକ୍ତ ଶୁଖିଯାଇଥାଏ। ଗୋଟିଏ ପଟେ ପିଲାର ଭଲ ମନ୍ଦ ନେଇ ଚିନ୍ତା ତ ଅନ୍ୟ ପଟେ ଅର୍ଥ ଖର୍ଚ୍ଚର ଭୟ। ଏପରି ଅବସ୍ଥା ଉକ୍ତ ବ୍ୟକ୍ତିଙ୍କୁ ହରଡ଼ଘଣାରେ ପକାଇଦେବା ସ୍ୱାଭାବିକ ହୋଇଥିବା ସ୍ଥଳେ କୃପଣ ବ୍ୟକ୍ତିଙ୍କର ଧନ ପ୍ରତି ରହିଥିବା ଅହେତୁକ ଦୁର୍ବଳତାଭାବ ପ୍ରତି ଏଭଳି ଉକ୍ତି ପ୍ରକାଶ କରାଯାଇଛି।

ଓଡ଼ିଆ ଢଗଢମାଳି ଓ ରୂଢ଼ି ପ୍ରୟୋଗ-ଏ.କେ. ମିଶ୍ର ପବ୍ଲିଶର୍ସ ପ୍ରା:ଲି:




ବୁଧବାର ଅପରାହ୍ନ ୫ଟାରେ ମହାକାଶରୁ ଉତ୍ତୋଳିତ ପାଣିପାଗ ଚିତ୍ର।

# ଏନ୍‌ଏଚ୍ ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ଆସବାବପତ୍ର ବାଜ୍ୟାପ୍ତି

## ଠିକାସଂସ୍ଥା ଟଙ୍କା ପ୍ରଦାନରେ ଅବହେଳାରୁ କାର୍ଯ୍ୟାନୁଷ୍ଠାନ

**ସମ୍ବଲପୁର, ୨।୪ (ପ୍ରମୋଦ ବହିଦାର)**

ଠିକାକାମ ବାବଦ ଟଙ୍କା ନ ଦେବାରୁ ବୁଧବାର ସମ୍ବଲପୁର ଜାତୀୟ ରାଜପଥ ସର୍କଲ ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟର ସମସ୍ତ ଆସବାବପତ୍ର ବାଜ୍ୟାପ୍ତ କରିଛନ୍ତି ଅଦାଲତ। ୨୦୦୭-୨୦୦୮ ମସିହାରେ କେନ୍ଦୁଝର ଜିଲା ଅଧୀନ ୫୩ ନମ୍ବର ଜାତୀୟ ରାଜପଥର ପ୍ରାୟ ୧୨କିଲୋମିଟର ରାସ୍ତାର ପ୍ରଶସ୍ତୀକରଣ କାମ ଠିକାସଂସ୍ଥା ଓରିଏଣ୍ଟ କନ୍‌ଷ୍ଟ୍ରକଶନ୍ ପ୍ରାଇଭେଟ୍ ଲିମିଟେଡ୍ କରିଥିଲା। ହେଲେ ଏହି କାର୍ଯ୍ୟ ବାବଦକୁ ଜାତୀୟ ରାଜପଥ(ଏନ୍‌ଏଚ୍) ଡିଭିଜନ ଉକ୍ତ ଠିକାସଂସ୍ଥାକୁ ୭୪ଲକ୍ଷ ୧୬ହଜାର ୧୧୮ ଟଙ୍କା ପ୍ରଦାନ କରି ନ ଥିଲା। ଏହାକୁ ସମ୍ପୃକ୍ତ ଠିକାସଂସ୍ଥା ସମ୍ବଲପୁର ସିନିୟର ଡିଭିଜନ ସିଭିଲ୍ ଜଜ୍‌ଙ୍କ ଅଦାଲତର ଦ୍ୱାରସ୍ଥ ହୋଇଥିଲା। ଉକ୍ତ ମାମଲାର ବିଚାରକରି ଅଦାଲତ ୨୦୧୩ ମସିହାରେ ଆବେଦନକାରୀ ଠିକାସଂସ୍ଥାକୁ ବକେୟା ଟଙ୍କା ଉପରେ ସୁଧକୁ ମିଶାଇ ମୋଟ ୧ କୋଟି ୪୨ଲକ୍ଷ ୨ହଜାର ୮୬୬ ଟଙ୍କା ପ୍ରଦାନ କରିବାକୁ ନିର୍ଦ୍ଦେଶ ଦେଇଥିଲେ।



ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟରେ ସମ୍ପତି ଜବତ ହେଉଛି।

ମାତ୍ର ଏନ୍‌ଏଚ୍ ଡିଭିଜନ ପକ୍ଷରୁ ଉକ୍ତ ଟଙ୍କା ପ୍ରଦାନ ପାଇଁ କୌଣସି ପଦକ୍ଷେପ ନିଆଯାଇ ନ ଥିଲା। ଫଳରେ ଅଦାଲତ ପକ୍ଷରୁ ଗତ ମାର୍ଚ୍ଚ ୭ରେ ଜାରି ନିର୍ଦ୍ଦେଶ ଅନୁସାରେ ବୁଧବାର ଅଦାଲତର ପ୍ରୋସେସ ସର୍ଭରମାନେ ସମ୍ବଲପୁର ଜାତୀୟ ରାଜପଥ ଡିଭିଜନର ସର୍କଲ ଅଧୀକ୍ଷଣ ଯନ୍ତ୍ରୀ ଓ ନିର୍ବାହୀ ଯନ୍ତ୍ରୀଙ୍କ କାର୍ଯ୍ୟାଳୟରେ ପହଞ୍ଚି ସମସ୍ତ ଅସ୍ଥାବର ସମ୍ପତ୍ତି ଓ ଆସବାବପତ୍ର ବାଜ୍ୟାପ୍ତ କରିଛନ୍ତି। ସେଥିମଧରେ କାର୍ଯ୍ୟାଳୟ ଆଲମାରୀ, ଟେବୁଲ, ଚୌକି, କମ୍ପ୍ୟୁଟର, ପ୍ରିଣ୍ଟର, ଫ୍ୟାକ୍ସ ମେଶିନ, ଟିଭି, ମନିଟର, ଇନ୍‌ଭର୍ଟର ଆଦି ସାମଗ୍ରୀ ରହିଛି।

ଅଦାଲତରେ ଏହି ମାମଲାକୁ ପରିଚାଳନା କରୁଥିବା ଠିକାସଂସ୍ଥା ଓକିଲ ସୌରୀ ନାରାୟଣ ପାଢ଼ୀ କହିଛନ୍ତି, ବାରମ୍ବାର ଅନୁରୋଧ ସତ୍ତ୍ୱେ ଜାତୀୟ ରାଜପଥ ବିଭାଗ ବକେୟା ରାଶି ପ୍ରଦାନ କରି ନ ଥିଲେ। ଫଳରେ ସମ୍ପୃକ୍ତ ଠିକାସଂସ୍ଥାର ଆବେଦନ କ୍ରମେ ଅଦାଲତ ଏହି ପଦକ୍ଷେପ ଗ୍ରହଣ କରିଛନ୍ତି। ସେହିପରି ସମ୍ବଲପୁର ଜାତୀୟ ରାଜପଥ ସର୍କଲର ବ୍ୟକ୍ତିଗତ ସହାୟକ ଶ୍ୟାମ ସୁନ୍ଦର ପ୍ରସାଦ ରାମ କହିଛନ୍ତି, ଏ ବାବଦରେ ବିଭାଗର ଉଚ୍ଚ ଅଧିକାରୀମାନେ ହିଁ କହିପାରିବେ। ତେବେ ଅଦାଲତଙ୍କ ପକ୍ଷରୁ କାର୍ଯ୍ୟାଳୟର ସମସ୍ତ ଆସବାବପତ୍ରକୁ ବାଜ୍ୟାପ୍ତ କରାଯାଇଥିବା ସେ କହିଛନ୍ତି।

# ଭାରପ୍ରାପ୍ତ ସମବାୟ ସମିତି ସମ୍ପାଦକ ଗିରଫ

## ପ୍ରଧାନମନ୍ତ୍ରୀ ଫସଲ ବୀମା ଯୋଜନା ଅର୍ଥ ଆତ୍ମସାତ

**ବାଲେଶ୍ୱର, ୨।୪(ବାଞ୍ଛାନିଧି ଦେ)**

ପ୍ରଧାନମନ୍ତ୍ରୀ ଫସଲ ବୀମା ଯୋଜନା କ୍ଷତିପୂରଣ ଅର୍ଥ ଆତ୍ମସାତ ଅଭିଯୋଗରେ ବାଲେଶ୍ୱର ଜିଲା ରେମୁଣା ବ୍ଲକ ଦୁର୍ଗାଦେବୀ ସମବାୟ ସମିତିର ଭାରପ୍ରାପ୍ତ ସମ୍ପାଦକ ଗିରିଶ ଚନ୍ଦ୍ର ବେହେରାଙ୍କୁ ବୁଧବାର ଭିଜିଲାନ୍ସ ଗିରଫ କରିଛି। ଏ ନେଇ ଦୁର୍ନୀତି ନିବାରଣ (ସଂଶୋଧନ) ଆଇନ ୨୦୧୮ ଅନୁଯାୟୀ ବାଲେଶ୍ୱର ଭିଜିଲାନ୍ସ ଥାନାରେ ଏକ ମାମଲା (ନଂ.୨/୨୦୨୫) ରୁଜୁ ହେବା ସହ ଗିରିଶଙ୍କୁ କୋର୍ଟଚାଲାଣ କରାଯାଇଛି। ଜାମିନ ନାମଞ୍ଜୁର ହେବାରୁ ତାଙ୍କୁ ଜେଲ ହାଜତକୁ ପଠାଯାଇଛି। ମାମଲାର ଅଧିକ ତଦନ୍ତ ଜାରି ରହିଥିବା ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

ସୂଚନା ଅନୁଯାୟୀ, ୨୦୨୧-୨୩ ମସିହା ମଧରେ ଚାଷ କ୍ଷୟକ୍ଷତିର ସମ୍ମୁଖୀନ ହୋଇଥିବା ଦୁର୍ଗାଦେବୀ ଅଞ୍ଚଳର ୩୮ଜଣ ଚାଷୀଙ୍କ କ୍ଷତିପୂରଣ ବାବଦ ୫ଲକ୍ଷ ୮୦ ହଜାର ଟଙ୍କା ଆତ୍ମସାତ ହୋଇଥିବା ଅଭିଯୋଗ ହୋଇଥିଲା। ଭିଜିଲାନ୍ସ ବିଭାଗର ତଦନ୍ତରେ ସମ୍ପୃକ୍ତ କ୍ଷତିପୂରଣ ଅର୍ଥ ବାବଦରେ ଗିରିଶ ଉପଯୁକ୍ତ ତଥ୍ୟ ଦେଇ ନ ପାରିବାରୁ ତାଙ୍କୁ ଗିରଫ କରାଯାଇଥିଲା।

# ପ୍ରେମିକଙ୍କୁ ଅପହରଣ କରି ୧୦ ଲକ୍ଷର ମୁଣ୍ଡଜାମିନ

## ପ୍ରେମିକାଙ୍କ ସହ ୪ ଯୁବକ ହୋଟେଲରୁ ଗିରଫ

- ହୋଟେଲରେ ବନ୍ଦୀ କରି ରଖିଥିଲେ, ଉଦ୍ଧାର କଲା ପୋଲିସ
- ବଡ଼ଭଉଣୀଙ୍କ ପୁରୁଷବନ୍ଧୁଙ୍କ ସହାୟତାରେ କାଣ୍ଡ ଭିଆଇଥିଲେ

**ଭୁବନେଶ୍ୱର, ୨।୪(ସତ୍ୟଜିତ୍ ରାଉତ)**

ନିବିଡ଼ ପ୍ରେମ ସମ୍ପର୍କରୁ ଲିଭ୍ ଇନ୍। ପରେ ପ୍ରେମିକାଙ୍କ ଚରିତ୍ର ଉପରେ ସନ୍ଦେହ ବଢ଼ିବାରୁ ହୋଇଥିଲା ଝଗଡ଼ାର ସୂତ୍ରପାତ। ଏଥିପାଇଁ ପ୍ରେମିକାଙ୍କୁ ଶାସ୍ତି ଦେବାକୁ କରିଥିଲେ ବଡ଼ ଷଡ଼ଯନ୍ତ୍ର। ବଡ଼ ଭଉଣୀଙ୍କ ପୁରୁଷବନ୍ଧୁଙ୍କ ସହଯୋଗରେ ନିଜ ଲିଭ୍ ଇନ୍ ପାର୍ଟନର୍‌ଙ୍କୁ ନିଶୁକ ମାଡ଼ ମାରିବା ସହ କରାଇଥିଲେ ଅପହରଣ। ଏପରି କି ଅଭିଯୁକ୍ତମାନେ ମୁଣ୍ଡ ଜାମିନ ପାଇଁ ୧୦ଲକ୍ଷ ଟଙ୍କା ଦାବି କରିଥିଲେ। ଏହି ମାମଲାରେ କମିଶନରେଟ୍ ପୋଲିସ ବୁଧବାର ଭୁବନେଶ୍ୱରର ଏକ ହୋଟେଲରୁ ଅପହର୍ତ୍ତାଙ୍କ କବଳରୁ ଜଗତ୍‌ସିଂହପୁର ଜିଲା ଘଡ଼ିମୂଳ ଗାଁର ଅପହୃତ ଯୁବକ ସୋମନାଥ ସ୍ୱାଇଁଙ୍କୁ ଉଦ୍ଧାର କରିଛି। ଏଥିସହ ପ୍ରେମିକା ଝାଡ଼ଖଣ୍ଡ ଜାମସେଦପୁରର ପ୍ରାପ୍ତି ଶର୍ମା(୨୩), ତାଙ୍କ ବଡ଼ଭଉଣୀଙ୍କ ପୁରୁଷବନ୍ଧୁ ଏବଂ ଅନ୍ୟ ୩ ଯୁବକଙ୍କୁ ଖାରବେଳନଗର ଥାନା ପୋଲିସ ଗିରଫ କରିଛି। ସେମାନେ ହେଲେ ପ୍ରାପ୍ତିଙ୍କ ବଡ଼ଭଉଣୀଙ୍କ ପୁରୁଷବନ୍ଧୁ ପାହାଳ ଅଞ୍ଚଳରେ ରହୁଥିବା କେନ୍ଦୁଝର ଜିଲା ଆନନ୍ଦପୁର ଥାନା ଅନ୍ତର୍ଗତ ମନୋହରପୁର ଗ୍ରାମର ଆକାଶ କୁମାର ପରିଡ଼ା(୨୯) ଏବଂ କଳିଙ୍ଗନଗର ଶାମପୁରରେ ରହୁଥିବା ଢେଙ୍କାନାଳ ଜିଲା କାମାକ୍ଷାନଗରର



ଗିରଫ ଯୁବତୀଙ୍କ ସମେତ ଅଭିଯୁକ୍ତ।

ରାକେଶ ଚନ୍ଦ୍ର ବାରିକ(୩୩), ପାରାଦୀପର ଶ୍ୟାମସୁନ୍ଦର ସାହୁ (୨୨) ଓ ଭରତପୁରର ଶିବରାମ ବେହେରା(୨୮)। ଅଭିଯୁକ୍ତଙ୍କ ନିକଟରୁ ଏକ ଆଇ-୨୦ କାର୍ (ଓଡି୦୫-ଏଜେଡ୍-୩୫୮୭), ହୋଣ୍ଡା ସିଟି କାର୍ (ଓଡି୦୨-ଏପି-୩୪୪୩), ୮ ମୋବାଇଲ, ଆକ୍ରମଣରେ ବ୍ୟବହୃତ ବାଡ଼ି, କାଠଫାଳିଆ ଜବତ ହୋଇଛି। କୋର୍ଟ ଚାଲାଣ ପରେ ୫ଜଣଙ୍କୁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି।

ସୂଚନାନୁଯାୟୀ, ପ୍ରେମିକା ପ୍ରାପ୍ତିଙ୍କ ସହ ସୋମନାଥ ଝାରପଡ଼ା ମହାବୀରନଗର ଲେନସ୍ଥିତ ଭଡ଼ାଘରେ ୩ବର୍ଷ ହେବ ଲିଭ୍ ଇନ୍‌ରେ ରହୁଥିଲେ। ସୋମନାଥଙ୍କ ଅନ୍ୟ ପରିବାର ସଦସ୍ୟମାନେ ଜାମସେଦ୍‌ପୁରରେ ରୁହନ୍ତି। ପ୍ରାପ୍ତି ଆଉ ଜଣେ ଯୁବକଙ୍କ ସହ ସମ୍ପର୍କ ରଖିଥିବା ସୋମନାଥ ସନ୍ଦେହ କରିଥିଲେ। ଫଳରେ ଉଭୟଙ୍କ ମଧରେ କିଛିଦିନ ହେଲା ଝଗଡ଼ା ହେଉଥିଲା। ଗତ ୩୦ତାରିଖରେ ସୋମନାଥ ଓ ପ୍ରାପ୍ତିଙ୍କ ମଧରେ ପ୍ରବଳ କଥା କଟାକଟି ଓ ବଚସା ହୋଇଥିଲା। ଏତିକିବେଳେ ପ୍ରାପ୍ତିଙ୍କୁ ସୋମନାଥ ମାଡ଼ ମାରିଥିଲେ। ସୋମନାଥ ମାଡ଼ ମାରିଥିବା ନେଇ ପ୍ରାପ୍ତି ନିଜ ବଡ଼ଭଉଣୀଙ୍କୁ କହିଥିଲେ। ପରେ ବଡ଼ଭଉଣୀ ଆକାଶଙ୍କୁ କହିଥିଲେ। ସେହିଦିନ ଆକାଶ କାର୍‌ରେ ଅନ୍ୟ ୩ ସହଯୋଗୀଙ୍କ ସହ ଝାରପଡ଼ାସ୍ଥିତ ଭଡ଼ାଘରକୁ ଆସିଥିଲେ। ସେମାନେ ସୋମନାଥଙ୍କୁ କାଠଫାଳିଆ, ବାଡ଼ି ଆଦିରେ ଆକ୍ରମଣ କରିବା ସହ ବଳପୂର୍ବକ ଅପହରଣ କରିନେଇଥିଲେ। ଅଭିଯୁକ୍ତମାନେ ସୋମନାଥଙ୍କୁ ସମ୍ ହସ୍ପିଟାଲ ନିକଟ ଏକ ହୋଟେଲକୁ ନେଇ ବନ୍ଦୀ କରି ରଖିଥିଲେ। ଜଣେ ଅଭିଯୁକ୍ତ ମାର୍ଚ୍ଚ ୩୧ ରାତି ପ୍ରାୟ ୧୦ଟା ୩୦ରେ ସୋମନାଥଙ୍କ ମୋବାଇଲରୁ ଜାମ୍‌ସେଦପୁରରେ ରହୁଥିବା ତାଙ୍କ ଭଉଣୀ ଅଞ୍ଜିତାଙ୍କୁ କଲ୍ କରିଥିଲେ। ସୋମନାଥଙ୍କୁ ମୁକୁଳାଇବା ପାଇଁ ସେମାନେ ୧୦ ଲକ୍ଷ ଟଙ୍କା ମାଗିଥିଲେ। ଏହି ଘଟଣାରେ ଅଞ୍ଜିତା ଭୁବନେଶ୍ୱର ଆସି ଖାରବେଳନଗର ଅଞ୍ଚଳରେ ସୋମନାଥ ରହୁଥିବା ଶୁଣିବାକୁ ପାଇ ଉକ୍ତ ଥାନାର ଦ୍ୱାରସ୍ଥ ହୋଇଥିଲେ। ଭାଇଙ୍କ ସହ ରହୁଥିବା ପ୍ରାପ୍ତି ହିଁ ଏନେଇ ଜାଣିଥିବା ସେ ଆଶଙ୍କା କରି ପୋଲିସକୁ ଜଣାଇଥିଲେ। ଥାନାରେ ମାମଲା (ନଂ.୧୩୧/୨୦୨୫) ରୁଜୁ ହେବା ସହ ତଦନ୍ତ ପାଇଁ ପୋଲିସ ୩ଟି ଟିମ୍ ଗଠନ କରିଥିଲା। ଫୋନ କଲ୍, ସିସିଟିଭି ଫୁଟେଜ୍ ଏବଂ ଅନ୍ୟ ବୈଷୟିକ ତଥ୍ୟ ସାହାଯ୍ୟରେ ପୋଲିସ ତଦନ୍ତକୁ ଜୋରଦାର କରିଥିଲା। ମାମଲା ରୁଜୁ ହେବାର ୬ଘଣ୍ଟା ଭିତରେ ଅପହର୍ତ୍ତାଙ୍କ କବଳରୁ ଅପହୃତଙ୍କୁ ଉଦ୍ଧାର କରାଯାଇଥିଲା ବୋଲି ପୋଲିସ କମିଶନର ଏସ୍. ଦେବଦତ୍ତ ସିଂ ଖବରଦାତା ସମ୍ମିଳନୀରେ ସୂଚନା ଦେଇଛନ୍ତି।

# ମଣିପାଲ ହସ୍ପିଟାଲର ଅତ୍ୟାଧୁନିକ ବର୍ନ ୟୁନିଟ୍ ଉଦ୍‌ଘାଟିତ

ଭୁବନେଶ୍ୱର,୨।୪

ରାଜ୍ୟର ପ୍ରମୁଖ ଘରୋଇ ଚିକିତ୍ସାଳୟ ତଥା ଭୁବନେଶ୍ୱରର ଖଣ୍ଡଗିରିସ୍ଥିତ ମଣିପାଲ ହସ୍ପିଟାଲରେ ଏକ ଅତ୍ୟାଧୁନିକ ବର୍ନ ୟୁନିଟ୍ ବୁଧବାର ଉଦ୍‌ଘାଟିତ ହୋଇଯାଇଛି। ଏହି ୬ ଶଯ୍ୟା ବିଶିଷ୍ଟ ବର୍ନ ୟୁନିଟ୍‌ରେ ସମସ୍ତ ପ୍ରକାର ଅତ୍ୟାଧୁନିକ ଚିକିତ୍ସା ସୁବିଧା ଅଭିଜ୍ଞ ଡାକ୍ତର ଓ ନର୍ସଙ୍କ ଦ୍ୱାରା ପ୍ରଦାନ କରାଯିବ। ବିଶେଷ କରି ପୋଡ଼ିହୋଇଯାଇଥିବା ଅନେକ ଗୁରୁତର ରୋଗୀଙ୍କୁ ସମ୍ପୂର୍ଣ୍ଣ ଚିକିତ୍ସା ସେବା ପ୍ରଦାନ କରାଯାଇପାରିବ। ନୂତନ ଭାବେ ଉଦ୍‌ଘାଟିତ ହୋଇଥିବା ଏହି ବର୍ନ ୟୁନିଟ୍ ଗମ୍ଭୀର ଭାବେ ଆଘାତ ହୋଇଥିବା ରୋଗୀଙ୍କୁ ଚିକିତ୍ସା ପ୍ରଦାନ କରିବା ପାଇଁ ସମର୍ପିତ ରହିଛି। ଏଥିରେ ଜରୁରିକାଳୀନ ଚିକିତ୍ସା, ସର୍ଜରି,



ଭୁବନେଶ୍ୱରର ମଣିପାଲ ହସ୍ପିଟାଲର ଅତ୍ୟାଧୁନିକ ବର୍ନ ୟୁନିଟ୍ ଉଦ୍‌ଘାଟନୀ ଉତ୍ସବରେ ନିମନ୍ତ୍ରିତ ଅତିଥି ଓ ଅନ୍ୟମାନେ ଉପସ୍ଥିତ ଅଛନ୍ତି।

ଆଇସିୟୁ ଏବଂ ପୁନର୍ବାସନ ସେବା ଯୋଗାଇ ଦିଆଯାଉଛି। ରୋଗୀଙ୍କ ଭଲ ଭାବେ ଚିକିତ୍ସା କରିବା ପାଇଁ ଏହି ବର୍ନ ୟୁନିଟ୍‌ରେ ବ୍ୟକ୍ତିଗତ ଆଇସୋଲେଶନ ୱାର୍ଡ ସୃଷ୍ଟି କରାଯାଇଛି, ଯାହାକି ସଂକ୍ରମଣ ହେବା ସମ୍ଭାବନାକୁ କମ୍ କରିଥାଏ।

ଏହି ଅବସରରେ ମଣିପାଲ ହସ୍ପିଟାଲର ଗ୍ରୁପ୍ ସିଓଓ କାର୍ତ୍ତିକ ରାଜଗୋପାଳ, ଆସୋସିଏଟ୍ ଭାଇସ୍ ପ୍ରେସିଡେଣ୍ଟ ମଧୁର ଗୋପାଳ , କ୍ଲଷ୍ଟର ଡାଇରେକ୍ଟର ସୁଧାକର କାନ୍ତିପୁଡି, ମଣିପାଲ ହସ୍ପିଟାଲ ଭୁବନେଶ୍ୱରର ମେଡିକାଲ ଡାଇରେକ୍ଟର ଡାକ୍ତର ଶକ୍ତିମୟ ମହାପାତ୍ରଙ୍କ ସମେତ ମଣିପାଲ ହସ୍ପିଟାଲର ପ୍ଲାଷ୍ଟିକ୍ ସର୍ଜନ ଡାକ୍ତର ବିଶ୍ୱଜିତ ମିଶ୍ର ଏବଂ ଡାକ୍ତର କୀର୍ତ୍ତିକେତନ ପ୍ରଧାନ ଉପସ୍ଥିତ ଥିଲେ। ଏ ସମ୍ପର୍କରେ ମଣିପାଲ ହସ୍ପିଟାଲର ଗ୍ରୁପ୍ ସିଓଓ କାର୍ତ୍ତିକ ରାଜଗୋପାଳ କହିଛନ୍ତି , ମଣିପାଲ ହସ୍ପିଟାଲ ଭୁବନେଶ୍ୱରରେ ବର୍ନ ଚିକିତ୍ସା ପାଇଁ ସମସ୍ତ ପ୍ରକାର ଅତ୍ୟାଧୁନିକ ଚିକିତ୍ସା ସୁବିଧା, ଅଭିଜ୍ଞ ଡାକ୍ତରଙ୍କ ଦ୍ୱାରା ସୁଲଭ ମୂଲ୍ୟରେ ଉପଲବ୍ଧ। ସେହିଭଳି ଭୁବନେଶ୍ୱରର ମେଡିକାଲ ଡାଇରେକ୍ଟର ଡାକ୍ତର ଶକ୍ତିମୟ ମହାପାତ୍ର କହିଥିଲେ, ହସ୍ପିଟାଲରେ ବର୍ନ ୟୁନିଟ୍ ଉଦ୍‌ଘାଟିତ ହେବା ନିଶ୍ଚିତ ଭାବେ ଏକ ଖୁସି ଖବର। ଏହା ଫଳରେ ଆମେ ସମସ୍ତ ପ୍ରକାର ବର୍ନ ସମସ୍ୟାର ସଫଳ ଚିକିତ୍ସା କରିବା ପାଇଁ ସହାୟକ ହେବ। ଏଥିପାଇଁ ସେ ବର୍ନ ୟୁନିଟ୍‌ର ସମସ୍ତ ଡାକ୍ତର, ନର୍ସ ଓ ଅନ୍ୟ କର୍ମଚାରୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।



ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ବେଦାନ୍ତ ଗ୍ରୁପ୍‌ର ଅଧ୍ୟକ୍ଷ ଅନିଲ ଅଗ୍ରୱାଲ ଏକ ସୌଜନ୍ୟମୂଳକ ସାକ୍ଷାତ ସହ ପୁଷ୍ପ ଗୁଚ୍ଛଦେଇ ଓଡ଼ିଶା ଦିବସର ଶୁଭେଚ୍ଛା ଜଣାଉଛନ୍ତି। ଏହି ପରିପ୍ରେକ୍ଷୀରେ ଅଗ୍ରୱାଲ ମାଝୀଙ୍କ ସହ ଓଡ଼ିଶାର ନିବେଶ ଓ କମ୍ପାନୀର କାର୍ଯ୍ୟକଳାପ ସମ୍ପର୍କରେ ଆଲୋଚନା କରିଛନ୍ତି।

## ଶେୟାର ବଜାରରେ ଉତ୍ସାହ

ମୁମ୍ବାଇ,୨।୪

ଦିନକ ପରେ ଘରୋଇ ଶେୟାର ବଜାର କାରବାରରେ ପରିବର୍ତ୍ତନ ଘଟିଛି। ଏପରିକି ଚଳିତ ସପ୍ତାହର ଦ୍ୱିତୀୟ କାର୍ଯ୍ୟଦିବସ ଫଳାଫଳ ଅନୁଯାୟୀ ଶେୟାର ବଜାର କାରବାରରେ ଉତ୍ସାହ ବୃଦ୍ଧି ସହ ନିବେଶକମାନେ ଲକ୍ଷାଧିକ ଟଙ୍କାର ନିବେଶ ବଢ଼ାଇଛନ୍ତି। ବିଶେଷକରି ବୁଧବାର ବମ୍ବେ ଷ୍ଟକ୍ ଏକ୍ସଚେଞ୍ଜ (ବିଏସ୍‌ଇ)ର ସେନ୍‌ସେକ୍ସ ୫୯୩ (୫୯୨.୯୩) ପଏଣ୍ଟ ବୃଦ୍ଧି ଘଟି ୭୬,୬୧୭ (୭୬,୬୧୭.୪୪) ଅଙ୍କରେ କାରବାର ବନ୍ଦ ହୋଇଥିଲା। ସେହିଭଳି ନ୍ୟାଶନାଲ ଷ୍ଟକ୍ ଏକ୍ସଚେଞ୍ଜ (ଏନ୍‌ଏସ୍‌ଇ)ର ନିଫ୍ଟି-୫୦ରେ ମଧ୍ୟ ୧୬୭ (୧୬୬.୬୫) ପଏଣ୍ଟ ବଢ଼ି ୨୩,୩୩୨ (୨୩,୩୩୨.୩୫) ଅଙ୍କରେ କାରବାର ଶେଷ ହୋଇଥିଲା। ଅପରପକ୍ଷରେ ବିଏସ୍‌ଇ ସେନ୍‌ସେକ୍ସର ମିଡକ୍ୟାପ୍ ଓ ସ୍ମଲକ୍ୟାପ୍ ଶେୟାରଗୁଡ଼ିକର ଇଣ୍ଡେକ୍ସ ସହ ଏନ୍‌ଏସ୍‌ଇ ନିଫ୍ଟି ମିଡକ୍ୟାପ,ସ୍ମଲକ୍ୟାପ ଏବଂ ବ୍ୟାଙ୍କ ଶେୟାରଗୁଡ଼ିକର କାରବାରରେ ପରିବର୍ତ୍ତନ ହୋଇଛି।

# ବଜାର ଚାହିଦାକୁ ଦେଖି ବ୍ୟବସାୟ କରିବା ଉଚିତ

**କେନ୍ଦୁଝର ଜିଲା ବଡ଼ବିଲଠାରେ ଏସେନ୍ ହିରୋର ନିର୍ଦ୍ଦେଶକ ପ୍ରଦୀପ କୁମାର ଥାକରଙ୍କ ଜନ୍ମ। ସେଠାରେ ସ୍କୁଲ ପଢ଼ା ସାରିବା ପରେ ଭୁବନେଶ୍ୱର ବିଜେବି କଲେଜରୁ ବାଣିଜ୍ୟରେ ସମ୍ମାନ ସହ ସ୍ନାତକ ଉତ୍ତୀର୍ଣ୍ଣ ହୋଇଥିଲେ। ଫାଇନାନ୍ସ ମ୍ୟାନେଜମେଣ୍ଟରେ ଡିଗ୍ରୀ ହାସଲ ପରେ ଚାକିରି ଜୀବନ ଆରମ୍ଭ କରିଥିଲେ। ମାତ୍ର ସେ ଚାକିରିରେ ବାନ୍ଧି ହୋଇପାରି ନ ଥିଲେ। ପରବର୍ତ୍ତୀ ସମୟରେ ବ୍ୟବସାୟ ଜଗତରେ ପାଦ ଦେଇଥିଲେ। ଖଣି ବ୍ୟବସାୟ, ରିୟଲ ଇଷ୍ଟେଟ୍ ଓ ଅଟୋମୋବାଇଲ କ୍ଷେତ୍ରରେ ଜଣେ ସଫଳ ଉଦ୍ୟୋଗୀ ଭାବେ ପରିଚିତ ଥାକରଙ୍କ ସହ ଧରିତ୍ରୀର ସ୍ୱତନ୍ତ୍ର ସାକ୍ଷାତକାର...**



ପ୍ରଦୀପ କୁମାର ଥାକର

BUSINESS EMINENCE AWARDS (ଧରିତ୍ରୀ | OrissaPOST)

**ପ୍ର- ଚାକିରି ଜୀବନରୁ ବ୍ୟବସାୟିକ ଯାତ୍ରା ସମ୍ପର୍କରେ କ'ଣ କହିବେ?**

ଉ- ଦିଲ୍ଲୀଠାରେ ମୋଦି ଜେରକ୍ସ କମ୍ପାନୀରେ ଫାଇନାନ୍ସ ମ୍ୟାନେଜର ଭାବେ କାର୍ଯ୍ୟରେ ଯୋଗ ଦେଇଥିଲି। ମାତ୍ର ବ୍ୟବସାୟ ପ୍ରତି ମୋର ବେଶ୍ ରୁଚି ଥିଲା। ବଡ଼ବିଲରେ ମୋ ବାପାଙ୍କ ଖଣି ବ୍ୟବସାୟ ଥିଲା। ତେଣୁ ବାପାଙ୍କ ପ୍ରେରଣାରେ ମୁଁ ପାରିବାରିକ ବ୍ୟବସାୟରେ ଯୋଗଦେଲି। ପୂର୍ବରୁ ମୋର ୨ ବଡ଼ଭାଇ ମଧ୍ୟ ଖଣି ଖନନ କାର୍ଯ୍ୟରେ ବାପାଙ୍କୁ ବ୍ୟବସାୟରେ ସହଯୋଗ କରୁଥିଲେ। ମୁଁ ବ୍ୟବସାୟକୁ ଆଉ ଟିକେ ମେକାନାଇଜ କରି ବଡ଼ ବଡ଼ ଯନ୍ତ୍ର ଲଗାଇ ଅଭିବୃଦ୍ଧି କରାଇଲି। ୧୯୯୭ ମସିହାରେ ଦାମୀ ଖଣିଖୋଳା ମେସିନ କୋମାସୁ ବଡ଼ବିଲ ଓ କେନ୍ଦୁଝରରେ ବିକ୍ରୟ ଆରମ୍ଭ କଲି। କେନ୍ଦୁଝର ଜିଲା ଖଣି ପରିବ୍ୟାପ୍ତ ଅଞ୍ଚଳ ହୋଇଥିବାରୁ ଏଠାରେ ଏହି ମେଶିନର ବିକ୍ରୟ ଓ ସେବା ବେଶ୍ ଭଲ ଚାଲିଲା।

**ପ୍ର- ଖଣି ବ୍ୟବସାୟ ଥିବା ସତ୍ତ୍ୱେ ରିୟଲ ଇଷ୍ଟେଟ୍‌କୁ ବାଛିଲେ କାହିଁକି?**

ଉ- ୨୦୦୩ରେ ବଡ଼ବିଲଠାରେ ଖଣି ବ୍ୟବସାୟ ସହ ସମ୍ପୃକ୍ତ ଓ ଖନନରେ ଯୋଡ଼ି ହୋଇଥିବା ବହୁ ଲୋକ କାର୍ଯ୍ୟରତ ଥାଆନ୍ତି। ମାତ୍ର ଏଠାରେ ବସବାସ ପାଇଁ ପର୍ଯ୍ୟାପ୍ତ ସୁଯୋଗ ନ ଥିଲା। ଏହାର ଆବଶ୍ୟକତାକୁ ମୁଁ ଉପଲବ୍ଧି କରି ପ୍ରଥମେ ବଡ଼ବିଲଠାରେ ଏସେନ୍ କନ୍‌ଷ୍ଟ୍ରକ୍ସନ୍ ଆରମ୍ଭ କଲି। ଏହି ପ୍ରକଳ୍ପରେ ୪ଟି ବ୍ଲକରେ ୧୦୦ଟି ଫ୍ଲାଟର ଯୋଜନା ରହିଥିଲା। ସେତେବେଳେ ଫ୍ଲାଟର ଚାହିଦା ଭଲ ଥିବା ହେତୁ ମୁଁ ସଫଳ ହେଲି ଓ ଏହି ଅଭିଜ୍ଞତାକୁ ନେଇ ଭୁବନେଶ୍ୱରର ଚନ୍ଦ୍ରଶେଖରପୁରଠାରେ ଲାଇଫ୍ ଷ୍ଟାଇଲ୍ ଇନ୍‌ଫୋସିଟି ଗ୍ରୀନ୍ ନାମରେ ଆଉ ଏକ ପ୍ରକଳ୍ପ ଆରମ୍ଭ କଲି।

**ପ୍ର- ବର୍ତ୍ତମାନ ରିଅଲ୍ ଇଷ୍ଟେଟ ବ୍ୟବସାୟରେ ଉନ୍ନତି କିପରି ଦେଖୁଛନ୍ତି?**

ଉ- ରିଅଲ ଇଷ୍ଟେଟ୍ ବ୍ୟବସାୟରେ ଯଥେଷ୍ଟ ସମ୍ଭାବନା ରହିଛି। ଓଡ଼ିଶାର ଭୁବନେଶ୍ୱର, ରାଉରକେଲା, ବଡବିଲ, ଝାରସୁଗୁଡ଼ା ଓ ବରଗଡ଼ ଆଦି ଅଞ୍ଚଳରେ ଆମେ ୪୨ଟି ପ୍ରକଳ୍ପ ସମ୍ପୂର୍ଣ୍ଣ କରିପାରିଛୁ। ଏଥିରେ ପ୍ରାୟତଃ ୨୦୦୦ରୁ ଅଧିକ ଫ୍ଲାଟ୍ ଆମେ ବିକ୍ରି କରିପାରିଛୁ। ପରେ ଖୁସି ରିୟଲକନ୍ ପ୍ରାଇଭେଟ ଲିମିଟେଡ୍ ଆରମ୍ଭ କରି ବଡ଼ ପ୍ରକଳ୍ପକୁ ନିର୍ମାଣ କରିବାରେ ନିଷ୍ପତ୍ତି ନେବାକୁ ହେଲା।

**ପ୍ର- ଦୁଇ ଦୁଇଟି କ୍ଷେତ୍ରରେ ସଫଳ ହେବା ପରେ ଅଟୋ ମୋବାଇଲ ବ୍ୟବସାୟ କଥା କିପରି ଚିନ୍ତା କଲେ?**

ଉ- ପୂର୍ବରୁ ଅଟୋମୋବାଇଲର ଅଭିଜ୍ଞତା ଥିଲା। ଉତ୍ତର ପିଢ଼ିକୁ ନୂଆ ଦିଗ ଦେଖାଇବା ପାଇଁ ଏସେନ୍ ଅଟୋ ମୋବାଇଲ କ୍ଷେତ୍ରରେ ବ୍ୟବସାୟ ଆରମ୍ଭ ପାଇଁ ଚିନ୍ତା କରିଥିଲୁ। ଓଡ଼ିଶାରେ ୨ ଚକିଆଯାନର ବହୁଳ ବ୍ୟବହାର ରହିଛି। ଏଥିରେ ମୋର ବଡ଼ ପୁତୁରା ସୌରଭ ଥାକର୍ ମୁଖ୍ୟ ଭୂମିକା ନେଇ ସବୁ ଦେଖାଶୁଣା କରୁଛନ୍ତି। ସେ ମୋଠାରୁ କେବଳ ଆର୍ଥିକ କ୍ଷେତ୍ରରେ ପରାମର୍ଶ ନେଇଥାନ୍ତି। କଟକର ଶିଖରପୁର ଓ ପୁରୀ ଘାଟସ୍ଥିତ ହିରୋ ମୋଟୋ କର୍ପ ଆମନ୍ତ୍ରଣ କ୍ରମେ ହିରୋ ପ୍ରିମିୟା- ଶୋରୁମ ଖୋଲିବାର ନିଷ୍ପତ୍ତି ନେଲୁ। ଏଥିରେ ୧୫୦ ସିସିରୁ ୬୫୦ ସିସି ପର୍ଯ୍ୟନ୍ତ ପ୍ରିମିୟମ୍ ଯାନ ପ୍ରତି ବିଶେଷ ଧ୍ୟାନ ଦେଲୁ। ଗୋଟିଏ ସ୍ଥାନରେ ଯୁବବର୍ଗ ଏବଂ ବାଇକ୍ ଲଭରଙ୍କ ଆଶା ପୂରଣ କରିବାରେ ସଫଳ ହୋଇପାରିଛୁ।

**ପ୍ର- ବ୍ୟବସାୟିକ ସଫଳତା କେତେ ସନ୍ତୋଷ ପ୍ରଦାନ କରିଥାଏ? ଆଗାମୀ ଦିନରେ ବ୍ୟବସାୟ ବଢ଼ାଇବାର ଯୋଜନା ରହିଛି କି?**

ଉ- ବ୍ୟବସାୟରେ ଏକ ଛୋଟ ଆରମ୍ଭରୁ ନେଇ ୨୦୦ ଲୋକଙ୍କୁ ନିଯୁକ୍ତି ପ୍ରଦାନର ଯାତ୍ରା ଖୁବ୍ ସନ୍ତୋଷଜନକ ରହିଛି। ୯୦ ପ୍ରତିଶତରୁ ଅଧିକ କର୍ମଚାରୀ ଆମ ସହ ଯେବେଠାରୁ ଯୋଡ଼ି ହୋଇଛନ୍ତି ସେବେଠାରୁ ଛାଡ଼ିଯିବାକୁ ଚାହାନ୍ତି ନାହିଁ। ଆମେ ଉଚ୍ଚଶିକ୍ଷିତ କିମ୍ବା କୁଶଳୀ କର୍ମଚାରୀଙ୍କୁ ନିଯୁକ୍ତି ପ୍ରଦାନ ଉପରେ ବିଶ୍ୱାସ ରଖୁନା ବରଂ ଆମ କମ୍ପାନୀରେ ନିଯୁକ୍ତ ହେଉଥିବା କର୍ମଚାରୀଙ୍କୁ ଶିକ୍ଷିତ ଓ ଦକ୍ଷ କରିବା ପାଇଁ ସମୟ ଓ ସୁଯୋଗ ପ୍ରଦାନ କରିଥାଉ। ବ୍ୟବସାୟରେ କେତେ ଲାଭବାନ ହେଲୁ ତାହା ଯେତିକି ଗୁରୁତ୍ୱପୂର୍ଣ୍ଣ ନୁହେଁ ବରଂ ଆମ କମ୍ପାନୀର କେତେ ଲୋକ ଉତ୍ତମ ଜୀବନଯାପନ କରୁଛନ୍ତି ତାହା ଗୁରୁତ୍ୱପୂର୍ଣ୍ଣ। ଆଗାମୀ ଦିନରେ ଆମେ ଓଡ଼ିଶା ସହିତ ଅନ୍ୟ ରାଜ୍ୟରେ ୨ ଚକିଆ ଓ ୪ ଚକିଆ ଯାନର ଡିଲରଶିପ୍ ସ୍ଥାପନ କରିବୁ। ଏହା ବ୍ୟତୀତ ଅନ୍ୟାନ୍ୟ ଜିଲାର ସଦର ମହକୁମାରେ ହାଉସିଂ ପ୍ରୋଜେକ୍ଟ କରିବାର ଲକ୍ଷ୍ୟ ରହିଛି।

**ପ୍ର- ନୂତନ ଯୁବପିଢ଼ି ପାଇଁ ଆପଣଙ୍କ ସନ୍ଦେଶ କ'ଣ ରହିବ?**

ଉ- ଶୃଙ୍ଖଳିତ କାମ କଲେ ସଫଳତା ନିଶ୍ଚିତ। ନିରବଚ୍ଛିନ୍ନ ପରିଶ୍ରମ ବଜାର ଚାହିଦାକୁ ଆଖି ଆଗରେ ରଖି ବ୍ୟବସାୟ କଲେ, ସଫଳତା ବାଟ କଢ଼ାଇ ନେବ।

ସାକ୍ଷାତ୍‌କାର – **ପ୍ରଦୀପ୍ତ ରଥ,** କଟକ

# ଟାଟା ଷ୍ଟିଲ୍‌ର ଏଫ୍‌ଏଏମ୍‌ଡି ପୁରସ୍କୃତ

ଭୁବନେଶ୍ୱର,୨।୪

ଟାଟା ଷ୍ଟିଲ୍‌ର ଫେରୋ ଆଲଏଜ ଆଣ୍ଡ ମିନେରାଲ୍ସ ଡିଭିଜନ (ଏଫ୍‌ଏଏମ୍‌ଡି)କୁ ନିକଟରେ ବେଷ୍ଟ ଇଣ୍ଟିଗ୍ରେଟେଡ୍ ୱାଟର ମ୍ୟାନେଜମେଣ୍ଟ ପ୍ରୋଜେକ୍ଟ (ଶ୍ରେଷ୍ଠ ସମନ୍ୱିତ ଜଳ ପରିଚାଳନା ପ୍ରକଳ୍ପ) ପାଇଁ ପୁରସ୍କୃତ କରାଯାଇଛି। ନୂଆଦିଲ୍ଲୀଠାରେ ଅନୁଷ୍ଠିତ ୱାଟର ଡାଇଜେଷ୍ଟ ୱାର୍ଲଡ ୱାଟର ଆୱାର୍ଡସ- ୨୦୨୫ରେ ଏଫ୍‌ଏଏମ୍‌ଡିକୁ ଏହି ସମ୍ମାନଜନକ ପୁରସ୍କାର ମିଳିଛି। ଭାରତ ସରକାରଙ୍କ ଜଳଶକ୍ତି ମନ୍ତ୍ରଣାଳୟର ରାଷ୍ଟ୍ରମନ୍ତ୍ରୀ ରାଜଭୂଷଣ ଚୌଧୁରୀ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେଯୋଗ ଦେଇ ଟାଟା ଷ୍ଟିଲ୍‌କୁ ସମ୍ବର୍ଦ୍ଧିତ ଓ ପୁରସ୍କୃତ କରିଥିଲେ। ଟାଟା ଷ୍ଟିଲ୍ ଏଫ୍‌ଏଏମ୍‌ଡିର ପ୍ରକଳ୍ପ, ପ୍ରଯୁକ୍ତି ଓ ଇମ୍ପ୍ରୁଭମେଣ୍ଟ ମୁଖ୍ୟ ନତାଶା ଝା କମ୍ପାନୀ ତରଫରୁ ପୁରସ୍କାର ଗ୍ରହଣ କରିଥିଲେ। ସେହିଭଳି ଭାରତର ପ୍ରିମିୟର ଜଳ ପତ୍ରିକା 'ୱାଟର ଡାଇଜେଷ୍ଟ' ପକ୍ଷରୁ ଆୟୋଜିତ ଏହି ସମାରୋହରେ ଜଳ ପରିଚାଳନା ପ୍ରକ୍ରିୟାରେ ଉନ୍ନତି ଏବଂ କାର୍ଯ୍ୟକ୍ଷେତ୍ରରେ ସ୍ଥାୟିତ୍ୱ ପାଇଁ ଟାଟା ଷ୍ଟିଲ୍‌ର ଅତ୍ୟାଧୁନିକ ଡିଜିଟାଲ ପ୍ରଯୁକ୍ତିର ବ୍ୟବହାରକୁ ସ୍ୱୀକୃତି ଦିଆଯିବା ସହ କମ୍ପାନୀକୁ ଏହି ପୁରସ୍କାର ପ୍ରଦାନ କରାଯାଇଛି। ଜଳଯୋଦ୍ଧା ଓ ସେମାନଙ୍କ ସଫଳତାକୁ ସେଲିବ୍ରେଟ କରିବା ଲାଗି ଏହି କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଏ ନେଇ ଟାଟା ଷ୍ଟିଲ୍(ଏଫ୍‌ଏଏମ୍‌ଡି)ର ଏକ୍‌ଜିକ୍ୟୁଟିଭ ଇନ୍‌ଚାର୍ଜ ପଙ୍କଜ ସତିଜା କହିଛନ୍ତି, ଭାରତ ହେଉଛି ଜଳାଭାବର ଏକ ଦେଶ ଏବଂ କୃଷି, ଗୋଷ୍ଠୀ ଓ ଶିଳ୍ପ ସମେତ ବିଭିନ୍ନ କ୍ଷେତ୍ର ଏହି ନିଅଣ୍ଟ ସମ୍ବଳ ପାଇବାକୁ ପ୍ରତିଦ୍ୱନ୍ଦ୍ୱିତା କରୁଛନ୍ତି। ଜଳ ଉପଯୋଗିତା କମ୍ କରିବା ଲାଗି ଆମେ ଆମ ତରଫରୁ ଉଦ୍ୟମ କରୁଛୁ। ଏହି ଯାତ୍ରାରେ ଅଭିନବ ଡିଜିଟାଲ ସମାଧାନ ଗ୍ରହଣ କରିବା ଦିଗରେ ଆମ ପ୍ରତିବଦ୍ଧତା ଓ ଉଦ୍ୟମକୁ ସ୍ୱୀକୃତି ମିଳିଥିବାରୁ ଆମେ ବହୁତ ଖୁସି ଅଛୁ।

# କିଟ୍, ଶ୍ରୀଲଙ୍କାର ସିଲନ ରସାୟନ ବିଜ୍ଞାନ ପ୍ରତିଷ୍ଠାନ ମଧ୍ୟରେ ବୁଝାମଣା

ଭୁବନେଶ୍ୱର,୨।୪(ଅନୁରାଧା ମହାରଣା)

ଶିକ୍ଷା ଏବଂ ଗବେଷଣା କ୍ଷେତ୍ରରେ ସହଯୋଗକୁ ସୁଦୃଢ଼ କରିବା ପାଇଁ କିଟ୍ ଓ ଶ୍ରୀଲଙ୍କାର ସିଲନ ରସାୟନ ବିଜ୍ଞାନ ପ୍ରତିଷ୍ଠାନ ମଧ୍ୟରେ ଏକ ବୁଝାମଣାପତ୍ର ସ୍ୱାକ୍ଷର ହୋଇଛି। କିଟ୍ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଶରଣଜିତ ସିଂହ ଏବଂ ସିଲନ ରସାୟନ ବିଜ୍ଞାନ ପ୍ରତିଷ୍ଠାନ ପକ୍ଷରୁ ଏହାର ଅଧ୍ୟକ୍ଷ ତଥା କେଲନିଆ ବିଶ୍ୱବିଦ୍ୟାଳୟର ରସାୟନ ବିଜ୍ଞାନ ବିଭାଗର ପ୍ରଫେସର ଜେନିଥା ଆବେଉଇକ୍ରେମା ଲିଆନାଗେ ଏହି ବୁଝାମଣାପତ୍ରରେ ସ୍ୱାକ୍ଷର କରିଛନ୍ତି। ସିଲନ ରସାୟନ ବିଜ୍ଞାନ ପ୍ରତିଷ୍ଠାନ ହେଉଛି ଶ୍ରୀଲଙ୍କାର ରସାୟନ ବିଜ୍ଞାନୀଙ୍କ ପ୍ରତିନିଧିତ୍ୱ କରୁଥିବା ଏକ ପ୍ରତିଷ୍ଠିତ ବୃତ୍ତିଗତ ସଂସ୍ଥା। ବୁଝାମଣା ଅନୁସାରେ ଉଭୟ ଅନୁଷ୍ଠାନ ଶୈକ୍ଷିକ ବିନିମୟ ଓ ମିଳିତ ଗବେଷଣା ପାଇଁ ପଦକ୍ଷେପ ନେବା ସହ ରସାୟନ ବିଜ୍ଞାନ କ୍ଷେତ୍ରରେ କ୍ଷମତା-ନିର୍ମାଣ କାର୍ଯ୍ୟକ୍ରମକୁ



ବୁଝାମଣାପତ୍ର ସ୍ୱାକ୍ଷର ଅବସରରେ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ, କିଟ୍ କୁଳପତି ପ୍ରଫେସର ଶରଣଜିତ ସିଂହ ଓ ସିଲନ ରସାୟନ ବିଜ୍ଞାନ ପ୍ରତିଷ୍ଠାନ ଅଧ୍ୟକ୍ଷା ପ୍ରଫେସର ଜେନିଥା ଆବେଉଇକ୍ରେମା ଲିଆନାଗେ।

ପ୍ରୋତ୍ସାହିତ କରିବେ। କାର୍ଯ୍ୟକ୍ରମରେ କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ, ଓପନ ୟୁନିଭର୍ସିଟି ଅଫ୍ ଶ୍ରୀଲଙ୍କାର ରସାୟନ ବିଜ୍ଞାନ ବିଭାଗ ପ୍ରଫେସର ଡ. ଥେଲମା ଆବେସିଂଘେ ଏବଂ କିଟ୍ ବିଶ୍ୱବିଦ୍ୟାଳୟ କୁଳସଚିବ ପ୍ରଫେସର ଜ୍ଞାନ ରଞ୍ଜନ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ଏହି ସହଭାଗିତା କିଟ୍ ଏବଂ ସିଲନ ରସାୟନ ବିଜ୍ଞାନ ପ୍ରତିଷ୍ଠାନ ମଧ୍ୟରେ ଗବେଷଣା, ଅଧ୍ୟାପକ ଏବଂ ଛାତ୍ର ବିନିମୟ କାର୍ଯ୍ୟକ୍ରମ ଏବଂ ଜ୍ଞାନର ଆଦାନପ୍ରଦାନ ପଦକ୍ଷେପକୁ ସହଜ କରିବ ବୋଲି ଆଶା କରାଯାଉଛି।

# ୫ଜି ଡାଉନ୍‌ଲୋଡ୍ ସ୍ପିଡ୍‌ରେ ଜିଓ ଦ୍ରୁତତମ

ମୁମ୍ବାଇ,୨।୪

୫ ଜି ଡାଉନ୍‌ଲୋଡ୍ ସ୍ପିଡ୍ ଦୌଡ଼ରେ ରିଲାଏନ୍ସ ଜିଓ ସମସ୍ତ ପ୍ରତିଯୋଗୀଙ୍କୁ ପଛରେ ପକାଇ ଦେଇଛି ବୋଲି ଓକଲା ପକ୍ଷରୁ କୁହାଯାଇଛି। ଏପରିକି ଓକଲା ସ୍ପିଡ୍‌ଟେଷ୍ଟ ଇଣ୍ଟେଲିଜେନ୍ସ ତଥ୍ୟ ଅନୁଯାୟୀ ରିଲାଏନ୍ସ ଜିଓର ହାରାହାରି ୫ଜି ଡାଉନ୍‌ଲୋଡ୍ ସ୍ପିଡ୍ ୨୫୮.୫୪ ଏମ୍‌ବିପିଏସ୍ ରେକର୍ଡ କରାଯାଇଛି। ଏୟାରଟେଲ୍ ୨୦୫.୧ ଏମ୍‌ବିପିଏସ୍ ସହ ଦ୍ୱିତୀୟ ସ୍ଥାନରେ ରହିଛି। ଓକଲା ୨୦୨୪ ଜୁଲାଇ ଏବଂ ଡିସେମ୍ବର ମଧ୍ୟରେ ସାରା ଦେଶରୁ ଏହି ତଥ୍ୟ ସଂଗ୍ରହ କରିଥିଲା। ରିଲାଏନ୍ସ ଜିଓ ୫ଜି ସହିତ ସାମଗ୍ରିକ ଭାବରେ ମଧ୍ୟ ଦ୍ରୁତତମ ମୋବାଇଲ୍ ନେଟ୍‌ୱର୍କର ଆଖ୍ୟା ମଧ୍ୟ ହାସଲ କରିଛି। ଜିଓ ଭାରତରେ ସବୁଠାରୁ ଦ୍ରୁତ ମୋବାଇଲ ସ୍ପିଡ୍ ନେଟ୍‌ୱର୍କ ପ୍ରଦାନକାରୀ ଅପରେଟର ଭାବରେ ଉଭା ହୋଇଛି। ଜିଓର ସାମଗ୍ରିକ ହାରାହାରି ଡାଉନଲୋଡ୍ ସ୍ପିଡ୍ ୧୫୮.୬୩ ଏମବିପିଏସ ରହିଥିବା ବେଳେ ଏୟାରଟେଲର ସ୍ପିଡ୍ ଜିଓର ଦୁଇତୃତୀୟାଂଶ ଅର୍ଥାତ୍ ପ୍ରାୟ ୧୦୦.୬୭ ଏମ୍‌ବିପିଏସ୍ ବୋଲି ମାପ କରାଯାଇଛି। ଭୋଡାଫୋନ୍ ଆଇଡିଆ ୨୧.୬ ଏମବିପିଏସ ସହିତ ତୃତୀୟ ସ୍ଥାନରେ ରହିଛି। ଏହି ସମୟ ମଧ୍ୟରେ, ଜିଓ ସାରା ଦେଶରେ ସର୍ବାଧିକ ୫ଜି ଉପଲବ୍ଧତା ରେକର୍ଡ କରିଥିଲା, ଅର୍ଥାତ୍, ଜିଓ ନେଟୱର୍କ ସର୍ବାଧିକ ସ୍ଥାନରେ ଉପଲବ୍ଧ ରହିଛି। ସ୍ପିଡ୍‌ଟେଷ୍ଟ ଇଣ୍ଟେଲିଜେନ୍ସ ତଥ୍ୟ ଅନୁଯାୟୀ, ଜିଓର ୭୩.୭% ଉପଭୋକ୍ତା ଅଧିକାଂଶ ସମୟ ଜିଓର ୫ଜି ନେଟ୍‌ୱର୍କ ବ୍ୟବହାର କରୁଛନ୍ତି, ଯାହା ଅନ୍ୟ ଯେକୌଣସି ଅପରେଟର ଅପେକ୍ଷା ବେଶ୍ ଅଧିକ। ମୋବାଇଲ କଭରେଜ୍ ଦୃଷ୍ଟିରୁ, ଜିଓ ୬୫.୬୬ କଭରେଜ୍ ସ୍କୋର ସହିତ ପ୍ରଥମ ସ୍ଥାନରେ ଥିଲା ବେଳେ ଏୟାରଟେଲ୍ ୫୮.୧୭ ସ୍କୋର ସହିତ ଦ୍ୱିତୀୟ ସ୍ଥାନରେ ରହିଛି। ରିଲାଏନ୍ସ ଜିଓ ଦ୍ରୁତତମ ମୋବାଇଲ ନେଟ୍‌ୱର୍କ ଏବଂ ଉନ୍ନତ ମୋବାଇଲ କଭରେଜ୍ ଉଭୟରେ ପ୍ରଥମ ସ୍ଥାନ ହାସଲ କରିଛି।

# ପାରାଦୀପ ବନ୍ଦର ଲଗାତର ଦ୍ୱିତୀୟ ଥର ନମ୍ବର-୧



ପାରାଦୀପ, ୨।୪(ଶରତ ରାଉତ)

ଓଡ଼ିଶାର ଏକମାତ୍ର ସରକାରୀ ବୃହତ୍ ବନ୍ଦର ପାରାଦୀପ ଲଗାତର ଦ୍ୱିତୀୟ ବର୍ଷ ପାଇଁ ନମ୍ବର-୧ ସ୍ଥାନ ବଜାୟ ରଖିଛି। ଚଳିତ ଆର୍ଥିକ ବର୍ଷ ଶେଷ ସୁଦ୍ଧା ପାରାଦୀପ ବନ୍ଦର ସମୁଦାୟ ୧୫୦.୪୧ ଏମ୍‌ଏମ୍‌ଟି (ମିଲିୟନ ମେଟ୍ରିକଟନ୍) ପଣ୍ୟ କାରବାର କରିଛି। ଯାହା ପୂର୍ବବର୍ଷ ତୁଳନାରେ ୭.୬୫% ଅଭିବୃଦ୍ଧି ବୋଲି କୁହାଯାଇଛି। ଏହି ଅବସରରେ ବୁଧବାର ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ଅଧ୍ୟକ୍ଷ ପି. ଏଲ. ହାରାନ୍ଧ ଓ ଅନ୍ୟ ସମସ୍ତ ବିଭାଗୀୟ ମୁଖ୍ୟମାନେ ଉପସ୍ଥିତ ରହି କେକ୍ କାଟି ଉତ୍ସବ ପାଳନ କରିଥିଲେ। ପରେ ଖବରଦାତାମାନଙ୍କୁ ପଣ୍ୟ କାରବାର ସମ୍ପର୍କରେ ଅଧ୍ୟକ୍ଷ ହାରାନ୍ଧ ସୂଚନା ଦେଇଥିଲେ। ସୂଚନା ଅନୁଯାୟୀ, ବିଶ୍ୱରେ ଲୁହାପଥର ଓ କୋକିଂ କୋଇଲା କାରବାର ନୈରାଶ୍ୟ ଜନକ ଥିବାବେଳେ ପାରାଦୀପ ବନ୍ଦର ସେଥିରେ ବିଶେଷ ପ୍ରଭାବ ପଡିନାହିଁ। ଏହାସତ୍ତ୍ୱେ ପଣ୍ୟ କାରବାର ଅଭିବୃଦ୍ଧି ହୋଇଛି ଏବଂ ଲଗାତର ଦ୍ୱିତୀୟ ଥର ପାଇଁ ଦେଶର ପ୍ରଥମ ସ୍ଥାନ ହାସଲ କରିଛି। ଗତ ଆର୍ଥିକ ବର୍ଷରେ ପାରାଦୀପ ବନ୍ଦର ୧୪୫.୦୩ ଏମ୍‌ଏମ୍‌ଟି ପଣ୍ୟ କାରବାର କରିଥିଲା। ଚଳିତବର୍ଷ କେତେକ ବ୍ୟବସ୍ଥାରେ ଉନ୍ନତି ଯୋଗୁ ଏହା ସମ୍ଭବ ହୋଇପାରିଛି। ସମୁଦାୟ ପଣ୍ୟ କାରବାର ମଧ୍ୟରେ କେବଳ କୋଷ୍ଟାଲ ପରିବହନ ୪୨.୩୬ ଏମ୍‌ଏମ୍‌ଟି ରହିଛି। କଣ୍ଟେନର କାର୍ଗୋ କାରବାର ୧୧୧ ପ୍ରତିଶତ ବୃଦ୍ଧି ପାଇଛି। ସେହିପରି ରେଲୱେ କାରବାର କ୍ଷେତ୍ରରେ ୫.୩୨% ବୃଦ୍ଧି ପାଇଛି। ସମୁଦାୟ ୨୨,୮୧୮ରେଳ ପଣ୍ୟ ନେବା ଆଣିବା କରିଛି। ବର୍ଥ କ୍ଷେତ୍ରରେ ଦୈନିକ ୩୪,୨୮୩ ମେଟ୍ରିକଟନ୍ ପଣ୍ୟ କାରବାର ହୋଇଛି। ଆଗକୁ କାରବାର ବୃଦ୍ଧି ପାଇଁ ୱେଷ୍ଟର୍ଣ୍ଣ ଡକ୍ କାର୍ଯ୍ୟ ଚାଲିଛି। ଏହା ୨୦୨୬ ଶେଷ ସୁଦ୍ଧା କାର୍ଯ୍ୟକ୍ଷମ ହେବାର ଲକ୍ଷ୍ୟ କରାଯାଇଛି।

# ମୁମ୍ବାଇରେ କେଭିଆଇସିର ମେଗା ଡିଷ୍ଟ୍ରିବ୍ୟୁଶନ

ମୁମ୍ବାଇ,୨।୪ (ଅଭୟ ଦାଶ)

ଖଦି ଓ ଗ୍ରାମୋଦ୍ୟୋଗ ଆୟୋଗ (ଖଦି ଆଣ୍ଡ ଭିଲେଜ ଇଣ୍ଡଷ୍ଟ୍ରିଜ କମିଶନ ବା କେଭିଆଇସି)ର ମୁମ୍ବାଇସ୍ଥିତ ମୁଖ୍ୟ କାର୍ଯ୍ୟାଳୟଠାରେ ଏକ 'ମେଗା ଡିଷ୍ଟ୍ରିବ୍ୟୁଶନ' କାର୍ଯ୍ୟକ୍ରମର ଆୟୋଜନ ଭିଡିଓ କନ୍‌ଫରେନ୍ସ ମାଧ୍ୟମରେ କରାଯାଇଥିଲା। ଏହି ପରିପ୍ରେକ୍ଷୀରେ ମୋଟ ୧୬,୩୭୭ ମେଶିନ, ଟୁଲ୍‌କିଟ୍ ଏବଂ ଉପକରଣ ଆଦି ବିଭିନ୍ନ ବର୍ଗଙ୍କୁ ବଣ୍ଟନ କରାଯାଇଥିଲା। ବିଶେଷକରି ୧୬,୩୭୭ଟି ଟୁଲ୍‌କିଟ୍ ଏବଂ ଉପକରଣ ବଣ୍ଟନ କରାଯାଇଥିଲା। ସେଥିରେ ୩,୯୫୦ ମହୁମାଛି ବାକ୍ସ, ୭,୦୬୭ ବୈଦ୍ୟୁତିକ କୁମ୍ଭାରଚକ, ୧,୩୫୦ ଚମଡ଼ା ଉତ୍ପାଦନ ମରାମତି ଟୁଲ୍‌କିଟ୍, ୩୯୦ ଚମଡା ଚପଲ ତିଆରି ଉପକରଣ, ୪୨୦ ଇଲେକ୍ଟ୍ରିସିଆନ୍ ଟୁଲ୍‌କିଟ୍, ୮୦ ଏସି ମରାମତି ଟୁଲ୍‌କିଟ୍, ୩୦୦ ପ୍ଲମ୍ବର ଟୁଲ୍‌କିଟ୍, ୬୦ ମୋବାଇଲ ମରାମତି ଟୁଲ୍‌କିଟ୍, ୯୭୧ ସିଲେଇ ମେଶିନ, ୨୭୮ ହାତ ତିଆରି କାଗଜ ତିଆରି ମେଶିନ, ୩୪୯ ସ୍ୱୟଂଚାଳିତ ଅଗରବତି ତିଆରି



କେଭିଆଇସିର ବଣ୍ଟନ କାର୍ଯ୍ୟକ୍ରମରେ ହିତାଧିକାରୀଙ୍କ ସମେତ ଅଧ୍ୟକ୍ଷ ଓ ଅନ୍ୟମାନେ ଉପସ୍ଥିତ ଅଛନ୍ତି।

ମେଶିନ, ୬୦ ପେଡାଲଚାଳିତ ଅଗରବତି ତିଆରି ମେଶିନ, ୩୨୦ ଟର୍ନଉଡ ମେଶିନ, ୧୮୦ କାଠ ଖେଳଣା ତିଆରି ମେଶିନ, ୪୬୦ ଅଦରକାରୀ କାଠ କାରୁକାର୍ଯ୍ୟ ମେଶିନ ଏବଂ ୨୯୨ କୃଷିଭିତ୍ତିକ ଖାଦ୍ୟ ପ୍ରକ୍ରିୟାକରଣ ମେଶିନ ଅନ୍ତର୍ଭୁକ୍ତ ରହିଛି। ଏହି ଅବସରରେ ମନୋଜ କୁମାର କହିଥିଲେ, ଖଦି ଓ ଗ୍ରାମୋଦ୍ୟୋଗ ଆୟୋଗ ଏ ପର୍ଯ୍ୟନ୍ତ ୨୦୨୪-୨୫ ଆର୍ଥିକ ବର୍ଷରେ ୧୧୧୦ ଖଦି ପ୍ରତିଷ୍ଠାନକୁ ସଂଶୋଧିତ ବଜାର ବିକାଶ ସହାୟତା (ଏମ୍‌ଏମ୍‌ଡିଏ) ଅଧୀନରେ ୨୧୫ କୋଟି ଟଙ୍କାର ଅନୁଦାନ ରାଶି ପ୍ରଦାନ କରିଛି, ଯାହା ଦ୍ୱାରା ୧,୪୬,୨୪୬ କାରିଗର ଉପକୃତ ହୋଇଛନ୍ତି। ଏହା ବ୍ୟତୀତ ଆଇଏସ୍‌ଇସି କାର୍ଯ୍ୟକ୍ରମ ମାଧ୍ୟମରେ ୧୧୫୩ଖଦିପ୍ରତିଷ୍ଠାନକୁ୪୦କୋଟିଟଙ୍କାର ଅନୁଦାନ ରାଶି ମଧ୍ୟ ପ୍ରଦାନ କରାଯାଇଛି । ୩୮୧୭ କାରିଗରଙ୍କୁ ଉପକୃତ କରୁଥିବା ଖଦି ପ୍ରତିଷ୍ଠାନକୁ ୩୨.୭୩ କୋଟି ଟଙ୍କାର ଅତିରିକ୍ତ ଏମ୍‌ଏମ୍‌ଡିଏ ଅନୁଦାନ ରାଶି ପ୍ରଦାନ କରାଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ଉତ୍ତରାଞ୍ଚଳର ସଦସ୍ୟ ନାଗେନ୍ଦ୍ର ରଘୁବଂଶୀ, ପୂର୍ବାଞ୍ଚଳର ସଦସ୍ୟ ମନୋଜ କୁମାର ସିଂହ, ଏମ୍‌ଏସ୍‌ଏମ୍‌ଇ ମନ୍ତ୍ରଣାଳୟର ଯୁଗ୍ମ ସଚିବ ବିପୁଲ ଗୋୟଲ, ବିଭାଗୀୟ ଅର୍ଥନୈତିକ ପରାମର୍ଶଦାତା ସିମି ଚୌଧୁରୀ ଏବଂ କେଭିଆଇସି କେନ୍ଦ୍ରୀୟ କାର୍ଯ୍ୟାଳୟର ବରିଷ୍ଠ ଅଧିକାରୀମାନଙ୍କ ସହିତ ଦେଶବ୍ୟାପୀ ରାଜ୍ୟ କାର୍ଯ୍ୟାଳୟର ଅଧିକାରୀ ଏବଂ କର୍ମଚାରୀମାନେ ଭିଡିଓ କନ୍‌ଫରେନ୍ସ ମାଧ୍ୟମରେ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ।

**ଜନ୍ମଦିନର ଶୁଭେଚ୍ଛା**

ନାମ: ....................................
ବୟସ:....................................
ଜନ୍ମ ତାରିଖ: ..............................



ଗୁନ୍‌ଗୁନ୍
ପରିବାରବର୍ଗ

ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ

ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ସମ୍ପୂର୍ଣ୍ଣ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ।

# ଅଯଥାରେ କର୍ମୀଙ୍କୁ ହଇରାଣ କରା ନ ଯାଉ: ଭକ୍ତ

ଭୁବନେଶ୍ୱର,୨।୪ (ରବିନାରାୟଣ ଜେନା)

ରାଜ୍ୟରେ ମହିଳାଙ୍କୁ ସୁରକ୍ଷା ପ୍ରସଙ୍ଗରେ ବୁଧବାର ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ପୋଲିସ କମିଶନରଙ୍କୁ ଭେଟିଛି। ଏହି ଅବସରରେ ଭକ୍ତ କହିଛନ୍ତି, କଂଗ୍ରେସ ପକ୍ଷରୁ ଗତ ୨୭ ତାରିଖରେ ହୋଇଥିବା ବିଧାନସଭା ଘେରାଉ ଅଭିଯାନ ବେଳେ କେତେଜଣ ଦୁର୍ବୃତ୍ତ ପୋଲିସ ଏବଂ କଂଗ୍ରେସ କର୍ମୀଙ୍କ ଉପରକୁ ପଥର ମାଡ଼ କରିଥିଲେ। ଏହାକୁ ନେଇ ପୋଲିସ ଲାଠିଚାର୍ଜ କରିବା ସହିତ ଆକ୍ରୋଶମୂଳକ ପଦକ୍ଷେପ ଗ୍ରହଣ କରୁଛି। ମାତ୍ର ବାସ୍ତବ କଥା ହେଲା, କଂଗ୍ରେସର କୌଣସି କର୍ମୀ ଏଭଳି ହୀନକାର୍ଯ୍ୟ କରିନାହାନ୍ତି। ଯଦି ପୋଲିସ ନିରପେକ୍ଷତା ଅବଲମ୍ବନ କରିବାକୁ ଚାହୁଁଛି ତେବେ ସିସିଟିଭି ଫୁଟେଜ୍ ଯାଞ୍ଚକରି ସଂପୃକ୍ତ ବ୍ୟକ୍ତିଙ୍କୁ ଗିରଫ କରୁ। ଅଯଥାରେ କଂଗ୍ରେସ କର୍ମୀଙ୍କୁ ହଇରାଣ ହରକତ ନ କରୁ ବୋଲି ଭକ୍ତ କହିଛନ୍ତି। ଏହି ଅବସରରେ ପୋଲିସ କମିଶନର ଉକ୍ତ ଘଟଣାର ଯାଞ୍ଚ କରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଛି ବୋଲି କହିଥିଲେ। ଭକ୍ତଙ୍କ ନେତୃତ୍ୱରେ ଗସ୍ତ କରିଥିବା ପ୍ରତିନିଧି ଦଳରେ ବରିଷ୍ଠ ବିଧାୟକ ତାରାପ୍ରସାଦ ବାହିନୀପତି, ପୂର୍ବତନ ପିସିସି ସଭାପତି ଜୟଦେବ ଜେନା ପ୍ରମୁଖ ସାମିଲ ଥିଲେ।



ତାମିଲନାଡୁର ମଦୁରାଇରେ ବୁଧବାର ଅନୁଷ୍ଠିତ ସିପିଆଇ-ଏମ୍‌ର ୨୪ତମ ପାର୍ଟି କଂଗ୍ରେସରେ ଯୋଗଦେଇଥିବା କେରଳ ମୁଖ୍ୟମନ୍ତ୍ରୀ ତଥା ସିପିଆଇ-ଏମ୍ ନେତା ପିନାରାୟୀ ବିଜୟନ, ଦଳର ମଧ୍ୟବର୍ତ୍ତିକାଳୀନ ସଂଯୋଜକ ପ୍ରକାଶ କରାଟ, ସିପିଆଇ-ଏମ୍ ପଲିଟ୍‌ବ୍ୟୁରୋ ସଦସ୍ୟ ବିମାନ ବୋଷ, ସିପିଆଇ ସାଧାରଣ ସମ୍ପାଦକ ଡି. ରାଜା ଏବଂ ଅନ୍ୟ ନେତୃବୃନ୍ଦ।

## ବିଜୁବାବୁଙ୍କ ରଙ୍ଗ ବଦଳାଇଛ, ରାଜ୍ୟବାସୀ କ୍ଷମାଦେବେନି: ଦେବୀ

ଭୁବନେଶ୍ୱର,୨।୪(ରବିନାରାୟଣ ଜେନା)

ରାଜ୍ୟ ସରକାର ଓଡ଼ିଆ ଅସ୍ମିତାର କଥା କହୁଛନ୍ତି। ହେଲେ ପ୍ରବାଦପୁରୁଷ ବିଜୁ ପଟ୍ଟନାୟକଙ୍କ ପ୍ରତିମୂର୍ତ୍ତି ରଙ୍ଗ ପରିବର୍ତ୍ତନ କରି ସରକାର କି ମନୋଭାବ ଦେଖାଇବାକୁ ଚାହୁଁଛନ୍ତି ବୋଲି ବିଜେଡି ସଦସ୍ୟ ଦେବୀରଞ୍ଜନ ତ୍ରିପାଠୀ ସରକାରଙ୍କୁ ଶୂନ୍ୟକାଳରେ ପ୍ରଶ୍ନ କରିଛନ୍ତି। ସେ କହିଛନ୍ତି, ରାଜ୍ୟ ସରକାର କଳିଙ୍ଗ ସମ୍ମାନ ପାଇଁ ଅର୍ଥରାଶି ବନ୍ଦକଲେ, ପଞ୍ଚାୟତିରାଜ ଦିବସ ବନ୍ଦ ହେଲା। ଜୟନ୍ତୀ ପୂର୍ବରୁ ମାହାଙ୍ଗାରେ ବିଜୁବାବୁଙ୍କ ପ୍ରତିମୂର୍ତ୍ତିରୁ ମୁଣ୍ଡ କାଟି ବିଖଣ୍ଡିତ କରିଦିଆଯାଇଥିଲା। ତ୍ରିପାଠୀ ଆହୁରି କହିଥିଲେ, ଓଡ଼ିଶା ପକ୍ଷ ପାଳନକରି ବରପୁତ୍ରଙ୍କୁ ସମ୍ମାନ ଦେବା କଥା ସରକାର କହୁଛନ୍ତି। କିନ୍ତୁ ବିଜୁବାବୁଙ୍କ ପ୍ରତିମୂର୍ତ୍ତିର ରଙ୍ଗ ବଦଳାଇ କ'ଣ ବାର୍ତ୍ତା ଦେବାକୁ ଚାହୁଁଛନ୍ତି ସରକାର। ଏଭଳିକରି ଓଡ଼ିଶାବାସୀଙ୍କ ମନରୁ ବିଜୁ ପଟ୍ଟନାୟକଙ୍କ ପ୍ରତିଛବିକୁ କେହି ବି ମଳିନ କରିପାରିବେ ନାହିଁ। ରାଜ୍ୟବାସୀ ଭାଜପା ସରକାରଙ୍କୁ କ୍ଷମା ଦେବେନାହିଁ। ଏଭଳି କାର୍ଯ୍ୟରୁ ଭାଜପା ନିବୃତ୍ତ ରହିବାକୁ ବାଚସ୍ପତି ରୁଲିଂ ଦିଅନ୍ତୁ ବୋଲି ଦେବୀ ଦାବି କରିଥିଲେ।

# ବଢ଼ିଲା କୋଶଳ ତାତି

ଭୁବନେଶ୍ୱର,୨।୪ (ରବିନାରାୟଣ ଜେନା)

- **ସମ୍ବଲପୁରୀ-କୋଶଳୀ ଭାଷାକୁ ଦ୍ୱିତୀୟ ରାଜ୍ୟ ଭାଷା ମାନ୍ୟତା ଦାବି**
- **ବିରୋଧୀ, ଶାସକ ଏକମତ**

ସମ୍ବଲପୁରୀ-କୋଶଳୀ ଭାଷାକୁ ଦ୍ୱିତୀୟ ରାଜ୍ୟ ଭାଷା ମାନ୍ୟତା ଦାବି ନେଇ ବୁଧବାର ବିଧାନସଭାରେ ତାତି ଜୋର୍ ଧରିଛି। କିଛିଦିନ ପୂର୍ବରୁ ଭାଜପାର ବରିଷ୍ଠ ସଦସ୍ୟ ଜୟନାରାୟଣ ମିଶ୍ର ଏହି ପରିପ୍ରେକ୍ଷୀରେ ମନ୍ତବ୍ୟ ଦେଇ ସାରା ରାଜ୍ୟରେ ଚର୍ଚ୍ଚାର ପରିଧି ଭିତରକୁ ଆସିଥିବାବେଳେ ବୁଧବାର ଗୃହ ଭିତରେ ବିରୋଧୀ ଓ ବାହାରେ ଶାସକ ଦଳ ସଭ୍ୟ ଏହି ସ୍ୱରକୁ ଶାଣିତ କରିଛନ୍ତି।

ବୁଧବାର ଶୂନ୍ୟକାଳରେ ଏହି ପ୍ରସଙ୍ଗ ଉଠାଇ ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ କହିଥିଲେ, ଭାଷା ହେଉଛି ଗୋଟିଏ ଅଞ୍ଚଳର ଆତ୍ମା। ଭାଷାକୁ ଛାଡ଼ି କୌଣସି ଅଞ୍ଚଳ ବଞ୍ଚିପାରିବ ନାହିଁ। ତେବେ ଗତ ମଙ୍ଗଳବାର ରାଜ୍ୟବ୍ୟାପୀ ଓଡ଼ିଶା ତଥା ଉତ୍କଳ ଦିବସ ମହାସମାରୋହରେ ପାଳିତ ହେଲା। ଯେଉଁ ସଂକଳ୍ପ ନେଇ ଓଡ଼ିଶା ଦିବସ ପାଳନ କରାଯାଉଛି ତାହା ସାର୍ଥକ ହେଉନାହିଁ। ରାଜ୍ୟର ୧୧ ଜିଲାର ଦେଢ଼କୋଟି ଲୋକ କୋଶଳୀ ଭାଷାରେ କଥାବାର୍ତ୍ତା ହେଉଛନ୍ତି। ଅନେକ ବର୍ଷ ହେବ ଏହି ଭାଷାକୁ ଅନ୍ୟତମ ରାଜ୍ୟ ଭାଷା ଭାବେ ମାନ୍ୟତା ଦେବାକୁ ଦାବି ହୋଇଆସୁଛି। ରାଜ୍ୟ ସରକାର ଏହାକୁ ସ୍ୱୀକୃତି ପ୍ରଦାନ କରନ୍ତୁ। ଏହି ଭାଷାରେ ରାମାୟଣ, ମହାଭାରତ, ହଜାର ହଜାର କବିତା ଓ କ୍ଷୁଦ୍ରଗଳ୍ପ ଲେଖାହୋଇଛି। ଏହି ଭାଷାର ନିଜସ୍ୱ ଅଭିଧାନ ମଧ୍ୟ ରହିଛି। ଏହି ଅଭିଧାନର ରଚୟିତା ସତ୍ୟନାରାୟଣ ବହିଦାରଙ୍କ ଜୟନ୍ତୀ ପାଳନ ହେଉଛି। ପଦ୍ମଶ୍ରୀ ହଳଧର ନାଗ କୋଶଳୀ ଭାଷାରେ ବହୁ ଗ୍ରନ୍ଥ ରଚନା କରିଛନ୍ତି। ସମ୍ବଲପୁରୀ ସଙ୍ଗୀତ 'ରଙ୍ଗବତୀ' ଗୀତ ସାରା ଭାରତରେ ଚର୍ଚ୍ଚିତ। ଦିଲ୍ଲୀରେ ଯେତେବେଳେ ସଙ୍ଗୀତ କାର୍ଯ୍ୟକ୍ରମରେ ରଙ୍ଗବତୀ ଗୀତ ବାଜେ ସମସ୍ତେ ଝୁମନ୍ତି। ସଂସଦରେ ମଧ୍ୟ ବର୍ତ୍ତମାନର ରାଜସ୍ୱ ମନ୍ତ୍ରୀ ତଥା ତତ୍‌କାଳୀନ ଏମ୍‌ପି ସୁରେଶ ପୂଜାରୀ ଏବଂ ମୁଁ ଏହି ପ୍ରସଙ୍ଗ ଉଠାଇ ଦାବି ରଖିଥିଲୁ ବୋଲି ପ୍ରସନ୍ନ କହିଛନ୍ତି।



ଏଥିସହ ସେ କହିଛନ୍ତି, ସମ୍ବିଧାନର ଅଷ୍ଟମ ଅନୁଚ୍ଛେଦରେ କୋଶଳୀ ଭାଷାକୁ ସ୍ଥାନିତ କରାଯାଉ। ସମ୍ବିଧାନର ନିୟମ ଅନୁଯାୟୀ, ରାଜ୍ୟ ସରକାର ଚାହିଁଲେ ଆଉ ଏକ ଭାଷାକୁ ମଧ୍ୟ ରାଜ୍ୟ ଭାଷାର ମାନ୍ୟତା ଦେଇପାରିବେ, ଏଥିପାଇଁ ସ୍ୱତନ୍ତ୍ର ପ୍ରାବଧାନ ଅଛି। ଏନେଇ ରାଜ୍ୟ ସରକାର କେନ୍ଦ୍ରକୁ ଆଉଥରେ ପ୍ରସ୍ତାବ ପଠାନ୍ତୁ। ଏହା ରାଜ୍ୟ ସରକାରଙ୍କ ପାଇଁ ଆହ୍ୱାନ। ଏଥିପାଇଁ କୌଣସି ଆଇନଗତ ବାଧା ନାହିଁ। ରାଷ୍ଟ୍ରପତିଙ୍କର ମଧ୍ୟ କ୍ଷମତା ଅଛି, ସେ ଚାହିଁଲେ ରାଜ୍ୟର ଦ୍ୱିତୀୟ ଭାଷା ପାଇଁ ନିର୍ଦ୍ଦେଶ ଦେଇପାରିବେ। ତେଣୁ କୋଶଳୀ ଭାଷାକୁ ଦ୍ୱିତୀୟ ରାଜ୍ୟ ଭାଷାର ମାନ୍ୟତା ଦିଆଯାଉ। ନଚେତ୍ ପାକିସ୍ତାନରେ ଯେଭଳି ଭାଷାଗତ ବିଭେଦତାକୁ ନେଇ ଦୁଇଟି ଦେଶ ସୃଷ୍ଟିହେଲା, ୨୦ରୁ ୨୫ ବର୍ଷ ପରେ ଓଡ଼ିଶାରେ ସେହିଭଳି ପରିସ୍ଥିତି ଉପୁଜିପାରେ ବୋଲି ପ୍ରସନ୍ନ କହିଥିଲେ।

ପରେ ଏହି ଦାବିକୁ ସମର୍ଥନ ଜଣାଇ ବିଜେଡି ସଦସ୍ୟ ଦିବ୍ୟଶଙ୍କର ମିଶ୍ର କହିଥିଲେ, କିଛିଦିନ ପୂର୍ବରୁ କେନ୍ଦ୍ର ସରକାର ୫ଟି ଭାଷାକୁ ମାନ୍ୟତା ଦେଇଛନ୍ତି। ଆସାମ, ମହାରାଷ୍ଟ୍ର ଓ ବିହାର ଭଳି ରାଜ୍ୟରେ ଦୁଇଟି ଭାଷାକୁ ରାଜ୍ୟ ଭାଷା ମାନ୍ୟତା ଦିଆଯାଇଛି। ତେଣୁ ରାଜ୍ୟ ସରକାର ଏନେଇ ପଦକ୍ଷେପ ଗ୍ରହଣ କରନ୍ତୁ। ଯଥାଶୀଘ୍ର କୋଶଳୀ ଭାଷାକୁ ରାଜ୍ୟ ଭାଷା ମାନ୍ୟତା ପ୍ରଦାନ କରନ୍ତୁ ବୋଲି ସେ କହିଥିଲେ।

ସେହିପରି ଗୃହ ବାହାରେ ଭାଜପା ସଦସ୍ୟ ଇରାଶିଷ ଆଚାର୍ଯ୍ୟ ଗଣମାଧ୍ୟମକୁ କହିଥିଲେ, ସମ୍ବଲପୁରୀ-କୋଶଳୀ ଭାଷାକୁ ଦ୍ୱିତୀୟ ରାଜ୍ୟ ଭାଷାର ମାନ୍ୟତା ଦେବାରେ କୌଣସି ଅସୁବିଧା ନାହିଁ।

# ପୋଲିସର ମନୋବଳ ଭାଙ୍ଗୁଛି, ଅପରାଧ ବଢୁଛି: ବିଜେଡି

ଭୁବନେଶ୍ୱର,୨।୪(ରବିନାରାୟଣ ଜେନା)

- **ଭରତପୁରରେ ପୋଲିସକୁ ଆକ୍ରମଣ ନେଇ ମୁଲତବୀ ଆଲୋଚନା**
- **ଅପରାଧୀଙ୍କ କ୍ଷେତ୍ରରେ ଶୂନ୍ୟସହନଶୀଳତା ନୀତି ଆପଣାଯାଉଛି : ଭାଜପା**

ରାଜ୍ୟରେ ଆଇନଶୃଙ୍ଖଳା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ ହୋଇପଡ଼ିଛି। ପୋଲିସର ମନୋବଳକୁ ସରକାର ଭାଙ୍ଗୁଛନ୍ତି। ଫଳରେ ଦିନକୁ ଦିନ ନାରୀ ନିର୍ଯାତନାଠାରୁ ଆରମ୍ଭକରି ବିଭିନ୍ନ ପ୍ରକାର ଅପରାଧ ବଢ଼ିଚାଲିଛି ବୋଲି ବିଜେଡି କହିଛି। ଭରତପୁରରେ ପୋଲିସକୁ ଆକ୍ରମଣ ନେଇ ବୁଧବାର ବିଧାନସଭାରେ ଆଗତ ମୁଲତବୀ ଆଲୋଚନାକାଳରେ ବିଜେଡି ଏଭଳି କହି ସରକାରଙ୍କୁ ସମାଲୋଚନା କରିଛି। ଏହାର ଜବାବରେ ଶାସକ ଦଳ କହିଛି, ମୋହନ ସରକାରଙ୍କ ଅମଳରେ ଅପରାଧୀ ଯେଉଁଠି ଲୁଚିଥିଲେ ବି ଧରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଛି। ସଂସଦୀୟ ବ୍ୟାପାର ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ କହିଥିଲେ, ସରକାର ଶୂନ୍ୟସହନଶୀଳତା ନୀତି ଆପଣାଇବା ଯୋଗୁ ଅପରାଧ କମିଛି। ଶାସକ-ବିରୋଧୀଙ୍କ ଆଲୋଚନା ଶୁଣିବା ପରେ ବାଚସ୍ପତି ମୁଲତବୀ ପ୍ରସ୍ତାବକୁ ଅଗ୍ରାହ୍ୟ କରିଥିଲେ। ମନ୍ତ୍ରୀଙ୍କ ଉତ୍ତରରେ ଅସନ୍ତୋଷ ପ୍ରକାଶକରି ବିଜେଡି କକ୍ଷତ୍ୟାଗ କରିଥିବା ଦେଖିବାକୁ ମିଳିଥିଲା।

ବୁଧବାର ମୁଲତବୀ ଆଲୋଚନା ଆରମ୍ଭକରି ବିଜେଡିର ବରିଷ୍ଠ ସଦସ୍ୟ ପ୍ରତାପ ଦେବ କହିଥିଲେ, ଭାଜପା ସରକାରରେ ଏବେ ଗୋଟିଏ କଥା ପରିଲକ୍ଷିତ ହେଉଛି ଯେ, ସବୁଥାନାରେ ଦଳର ଜଣେ କର୍ମକର୍ତ୍ତାଙ୍କୁ ପରିଚାଳନା ଲାଗି ଚୌକି ପକାଯାଇଛି। ସେ ପୁଣି କହିଥିଲେ, ମନ୍ତ୍ରୀଙ୍କ କଥାରେ ଯଦି ସବୁ ଠିକ୍ ଚାଲିଛି ଗଣମାଧ୍ୟମର ପ୍ରକାଶିତ ଖବର କ'ଣ ସମ୍ପୂର୍ଣ୍ଣ ମିଛ? ସରକାର ଦିଶାହୀନ ଚିନ୍ତାଧାରା ନେଇ ଚାଲିଛନ୍ତି। ଏବେ ସବ୍‌ଇନ୍‌ସପେକ୍ଟରଠୁ ଆରମ୍ଭକରି ଡିଜିଙ୍କ ପର୍ଯ୍ୟନ୍ତ ସମସ୍ତଙ୍କ ଉପରେ ରାଜନୈତିକ ଚାପ ପଡୁଛି। ପୋଲିସକୁ କ୍ଷମତା ଦିଆଯାଉନାହିଁ ବୋଲି ସେ କହିଥିଲେ।

ବିଜେଡି ସଦସ୍ୟ ବ୍ୟୋମକେଶ ରାୟ ଓ ସାରଦା ପ୍ରସାଦ ଜେନା କହିଥିଲେ, ରାଜଧାନୀ ଭୁବନେଶ୍ୱରରେ ସବୁଠୁ ଅଧିକ ଅପରାଧ ଘଟୁଛି। ଯଦି ରାଜ୍ୟପାଳଙ୍କ ପୁଅ ଘଟଣାରେ କାର୍ଯ୍ୟାନୁଷ୍ଠାନ ହୋଇଥାନ୍ତା ତେବେ ରାଜ୍ୟରେ ଆଜି ଏଭଳି ଘଟଣା ଘଟି ନ ଥାନ୍ତା। ଭାଜପା କାର୍ଯ୍ୟାଳୟରେ ମୁଖ୍ୟମନ୍ତ୍ରୀଙ୍କ ପଛରେ ଛୁରି ମରାଯାଉଛି (ବିଶ୍ୱାସଘାତ, ବଦନାମ ଚକ୍ରାନ୍ତ) ବୋଲି ସେମାନେ କହିଥିଲେ।

ଏହାର ଜବାବ ରଖି ଭାଜପା ସଦସ୍ୟ ଇରାଶିଷ୍ ଆଚାର୍ଯ୍ୟ କହିଥିଲେ, ଭରତପୁରରେ ପୋଲିସ ଉପରେ ହୋଇଥିବା ଆକ୍ରମଣକୁ ନେଇ ତ୍ୱରିତ ପଦକ୍ଷେପ ଗ୍ରହଣ କରାଯାଇଛି। ଦୁଇଟି ପିସିଆର ଭ୍ୟାନ୍ ଖବର ପାଇବାର ମାତ୍ର ୧୨ ମିନିଟ୍‌ରେ ପହଞ୍ଚିଥିଲେ। ୨୦୨୦ରେ ପୋଲିସକୁ ଆକ୍ରମଣଜନିତ ୧୭୬ଟି ମାମଲା ହୋଇଥିବାବେଳେ ଏବେ ଏହା ୧୫୭ରେ ପହଞ୍ଚିଛି। ପୂର୍ବରୁ ପୋଲିସ ଦିଶାହୀନ ହୋଇ କାର୍ଯ୍ୟ କରୁଥିଲା। ହେଲେ ଏବେ ସମ୍ପୂର୍ଣ୍ଣ ଜୋସ୍‌ରେ କାର୍ଯ୍ୟ କରୁଛି।

ଭାଜପା ସଦସ୍ୟ ବାବୁ ସିଂ କହିଥିଲେ, ପୂର୍ବରୁ ପୋଲିସକୁ ତୃତୀୟ ମହଲାରୁ ପରିଚାଳନା କରାଯାଉଥିଲା। ଖାଲି ସେତିକି ନୁହେଁ, ବିଜେଡି ନିଜ ନେତାଙ୍କୁ ବି ହତ୍ୟା କରିବାକୁ ପଛାଇନାହିଁ। ନବ ଦାସ ହୁଅନ୍ତୁ କି ମହେଶ୍ୱର ମହାନ୍ତି ତାଙ୍କ ବିରୋଧରେ କେମିତି ହତ୍ୟା ଷଡ଼ଯନ୍ତ୍ର ରଚାଯାଇଥିଲା ତା'ର ଜବାବ ସେ ମାଗିଥିଲେ। ଭାଜପା ସଦସ୍ୟ ଅମରେନ୍ଦ୍ର ଦାସ ଓ ସନାତନ ବିଜୁଳି ଆଲୋଚନାରେ ଭାଗ ନେଇଥିଲେ।

ମୁଖ୍ୟମନ୍ତ୍ରୀଙ୍କ ପକ୍ଷରୁ ସଂସଦୀୟ ବ୍ୟାପାର ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ କହିଥିଲେ, ବିଜେଡି ସରକାର ସମୟରେ ଘୋଡ଼ାରେ ବସୁଥିଲେ ଜଣେ, ଆଉ ଲଗାମ ଧରୁଥିଲେ ଜଣେ ଅଣଓଡ଼ିଆ, ଯାହା ପାଇଁ ପୋଲିସର ମନୋବଳ କମୁଥିଲା। କିଛି ଘଟଣା ଘଟିଲେ ଆଇଆଇସିଙ୍କଠାରୁ ଡିଜିଙ୍କ ଯାଏ ବିଜେଡି ସରକାର ସମୟରେ କଲ୍ କରି ମାମଲାକୁ କାଣ୍ଟଛାଣ୍ଟ କରିବାକୁ କୁହାଯାଉଥିଲା। ଭାଜପା ସରକାର ପୋଲିସର ମନୋବଳକୁ ଭାଙ୍ଗୁନାହାନ୍ତି। ଭରତପୁର ଅଞ୍ଚଳରେ ଘଟିଥିବା ଘଟଣାରେ ପୋଲିସ ତତ୍ପରତା ଦେଖାଇଥିଲା। ପୋଲିସ ଆକ୍ସନ ନେଉଛି, ଦୋଷୀଙ୍କୁ ଧରି ଜେଲ ପଠାଉଛି ବୋଲି ମନ୍ତ୍ରୀ କହିଥିଲେ।

**Classified Everyday**
**0674-2580101, 9692975378**



REAL ESTATE

**SALE**

**Building for sale 70,000 sqft. with land area 11 acre of land near Brahmapur, Ganjam for Hospital/College/ School. Contact No- 8260780200.** D-76806



**Newly opened spa in puri. Professional body massage available. 9861984834.** D-3394

**AFFIDAVIT**

I, NIRANJAN SAMANTARAY, S/o- Gagan Chandra Samantray, resident of At- Flat No.- 303, Block- A, Nageswar Residency, Kalarahanga, Bhubaneswar, Urban, Odisha, India, PIN-751024 declare by this affidavit No.- 656 dtd. 02.04.2025 that now onwards I shall be known as NIRANJAN SAMANTRAY for all future purposes. D-009

By virtue an affidavit sworn before Executive Magistrate, Dhenkanal, dtd. 11.03.2025, No.- 1783 I, Sumitra Moharana, W/o- Laxmidhar Moharana, Village- Solagadia, Post.- Lethaka, P.S.- Nihalprasad, Dist.- Dhenkanal (Odisha)- 759016, declare that I have changed my name from Rama Moharana to Sumitra Moharana. Henceforth, I shall be known as SUMITRA MOHARANA for all purposes.
Sumitra Moharana
D-73586

ମୁଁ, ମଞ୍ଜୁଲତା ବେହେରା, ସ୍ୱାମୀ- ନରେନ୍ଦ୍ର କୁମାର ବେହେରା, ପ୍ଲଟ୍ ନଂ- ୪୪୯, କ୍ରିଷ୍ଣାପୁରୀ, ପୋଷ୍ଟ- ମଳିପଡ଼ା, ଥାନା- ଚନ୍ଦକା, ଜିଲ୍ଲା- ଖୋର୍ଦ୍ଧା, ପିନ୍- ୭୫୧୦୦୩, ଓଡ଼ିଶା ନିବାସୀ, ଏହି ସତ୍ୟପାଠ ସି.ଏଫ୍.ନମ୍ବର ୫୬, ତାରିଖ ୧୨।୧୧।୨୪ରେ ଘୋଷଣା କରୁଛି ଯେ, ଏବେଠାରୁ ମୁଁ ଭବିଷ୍ୟତର ସମସ୍ତ ଉଦ୍ଦେଶ୍ୟ ପାଇଁ ମଞ୍ଜୁଲତା ପଣ୍ଡିତ ଭାବରେ ପରିଚିତ ହେବି। ଧ-୦୦୭

ମୁଁ, ନରେନ୍ଦ୍ର ବେହେରା, ପିତା- ସ୍ୱର୍ଗତ ଯଦୁନାଥ ବେହେରା, ପ୍ଲଟ୍ ନଂ- ୪୪୯, କ୍ରିଷ୍ଣାପୁରୀ, ପୋଷ୍ଟ- ମଳିପଡ଼ା, ଥାନା- ଚନ୍ଦକା, ଜିଲ୍ଲା- ଖୋର୍ଦ୍ଧା, ପିନ୍- ୭୫୧୦୦୩, ଓଡ଼ିଶା ନିବାସୀ, ଏହି ଶପଥପତ୍ର ସି.ଏଫ୍.ନମ୍ବର ୫୫ ତାରିଖ ୧୨।୧୧।୨୪ରେ ଘୋଷଣା କରୁଛି ଯେ, ଭବିଷ୍ୟତର ସମସ୍ତ ଉଦ୍ଦେଶ୍ୟ ପାଇଁ ମୁଁ ନରେନ୍ଦ୍ର କୁମାର ବେହେରା ଭାବରେ ପରିଚିତ ହେବି। ଧ-୦୦୬

**Email** ମାଧ୍ୟମରେ କ୍ଲାସିଫାଏଡକୁ ବିଜ୍ଞାପନ ପଠାଇବାର ଠିକଣା:-
classifieddharitri@gmail.com

I, Jena Amartya, S/o- Pravakar Jena, resident of Ward No.- 18, Pandara Square, Rasulgarh, P.O./P.S.- Mancheswar, Dist.-Khorda, PIN- 751025 Odisha declare by this affidavit No.- 82 Dtd.- 02.04.2025 that now onwards I shall be known as J Amartya for all future purposes. D-010

By virtue of an affidavit before Executive Magistrate, Sadar, Cuttack on dtd. 02.04.2025 I, Sri Shubham Sahoo, S/o- Pranakrushna Sahoo, Dadhapatna, Barang, Cuttack declare that I have changed my name from Shubham Sahoo to Pritish Ranjan Sahoo. Henceforth, I shall be known as Pritish Ranjan Sahoo for all purpose. D-011

**ପାଠକଙ୍କ ପାଇଁ ସୂଚନା**
କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।

**ମନେ ପଡ଼ନ୍ତି**

**ପ୍ରଥମ ବର୍ଷ ଶ୍ରାଦ୍ଧବାର୍ଷିକୀ**



**ସ୍ୱ.ପ୍ରବୀଣା କାନୁନ୍‌ଗୋ**
ସ୍ୱାମୀ- ପ୍ରିୟରଞ୍ଜନ କାନୁନ୍‌ଗୋ
ଦଇତାପଡ଼ା ସାହି, ପୁରୀ
ଆପଣଙ୍କର ସ୍ନେହ, ଶ୍ରଦ୍ଧା ଓ ଭଲପାଇବା ଆମ୍ଭପାଇଁ ଚିରସ୍ମରଣୀୟ ହୋଇ ରହିବ। ଅମର ଆତ୍ମାର ସଦ୍‌ଗତି ନିମନ୍ତେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ଚରଣ କମଳରେ ବିନମ୍ର ପ୍ରାର୍ଥନା କରୁଅଛୁ।
ଶୋକସନ୍ତପ୍ତ:- ସ୍ୱାମୀ, ଝିଅ- ରୋଜାଲିନ୍, ଶ୍ୱେତାଲିନ୍, ଜ୍ୱାଇଁ- ଦେବେନ୍ଦ୍ର, ପ୍ରଶାନ୍ତ, ନାତି- ଶୁଭ, ସତ୍ୟମ୍, ନାତୁଣୀ- ଶ୍ରୀ ଏବଂ ପରିବାରବର୍ଗ।
ଧ-୦୦୨

ନିଜର ପ୍ରିୟଜନମାନଙ୍କୁ ଜନ୍ମଦିନର ଓ ବିବାହ ଶୁଭେଚ୍ଛା ଜଣାନ୍ତୁ କେବଳ ଟ୨୧୦/- ରେ। ରଙ୍ଗୀନ ଟ୪୨୦/- ରେ। (ଫଟୋ ସହ) ବି.ଦ୍ର.: ଶୁଭେଚ୍ଛା ୬ସେମି. (H) X ୪ସେମି. (W) ହେବା ଆବଶ୍ୟକ।

# ବିଧାୟକ ପ୍ରଶାନ୍ତଙ୍କ ଭାଷଣକୁ ନେଇ ହୋହଲ୍ଲା

କଟକ,୨।୪(ଶିଳ୍ପା ପ୍ରିୟଦର୍ଶିନୀ)

**ରାଜ୍ୟସ୍ତରୀୟ ଓଡ଼ିଶା ଦିବସ ପାଳନବେଳେ ମଞ୍ଚରେ ରୋଚକ ଦୃଶ୍ୟ**

**ପୂର୍ବ ସରକାର, ପ୍ରଶାନ୍ତଙ୍କୁ ଟାର୍ଗେଟ କଲେ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ**

ରାଜ୍ୟସ୍ତରୀୟ ଓଡ଼ିଶା ଦିବସ ପାଳନ ଅବସରରେ କଟକ ଜିଲା ସତ୍ୟଭାମାପୁରଠାରେ ମଙ୍ଗଳବାର ଏକ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଏହି କାର୍ଯ୍ୟକ୍ରମର ମଞ୍ଚରେ ରୋଚକ ଦୃଶ୍ୟ ଦେଖିବାକୁ ମିଳିଛି। ସରକାରୀ କାର୍ଯ୍ୟକ୍ରମବେଳେ ବିଜେଡି ବିଧାୟକ ପ୍ରଶାନ୍ତ ବେହେରା ମଞ୍ଚ ଉପରେ ନିଜ ଭାଷଣରେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଗୁଣଗାନ କରିବାରୁ ମଞ୍ଚ ତଳେ ଥିବା ଲୋକେ ଏବଂ ଭାଜପା କର୍ମୀ ହୋହଲ୍ଲା କରିଥିଲେ। ପରେ ସେହି ମଞ୍ଚରେ ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ବିଧାୟକଙ୍କ କଥାକୁ କାଉଣ୍ଟର କରିଥିଲେ। ସେ କହିଥିଲେ, ଏହା ରାଜନୈତିକ ମଞ୍ଚ ନୁହେଁ। ଏହି ମଞ୍ଚରେ କେଉଁ ସରକାର କେଉଁ ସମୟରେ କ'ଣ କାମ କରିଥିଲା, ତାହା କହିବା ଉପଯୁକ୍ତ ସମୟ ନୁହେଁ। ଏହି ମଞ୍ଚ ଓଡ଼ିଆଙ୍କ ସ୍ୱାଭିମାନ, ଓଡ଼ିଆଙ୍କ ଭାବନାକୁ ପ୍ରଦର୍ଶନ କରିବାର ମଞ୍ଚ। ଓଡ଼ିଶା ଦିବସରେ ପ୍ରତ୍ୟେକ ଓଡ଼ିଆ ରାଜ୍ୟର ଉନ୍ନତି ପାଇଁ କାମ କରିବାର ଆବଶ୍ୟକତା ରହିଛି। ଏଥିପାଇଁ ସମସ୍ତେ ଏକଜୁଟ୍ ହେବା ଆବଶ୍ୟକ ବୋଲି ମନ୍ତ୍ରୀ ସୂରଜ କହିଥିଲେ।

# ଅନାସ୍ଥା ସପକ୍ଷରେ ୨୦ କାଉନସିଲରଙ୍କ ଭୋଟ

ଯାଜପୁର/ଯାଜପୁର ରୋଡ଼ (ହର୍ଷବର୍ଦ୍ଧନ ବେହେରା/ ପବିତ୍ର ରଞ୍ଜନ ମହାନ୍ତି),୨।୪

**ବ୍ୟାସନଗର ପୌରାଧ୍ୟକ୍ଷାଙ୍କୁ ବିରୋଧ**

ବ୍ୟାସନଗର ପୌରାଧ୍ୟକ୍ଷା ସଙ୍ଗୀତା ପିଙ୍ଗୁଆଙ୍କ ବିରୋଧରେ ବୁଧବାର ଅନାସ୍ଥା ଭୋଟ ଗ୍ରହଣ କରାଯାଇଛି। ୨୬ ଜଣ କାଉନସିଲରଙ୍କ ମଧ୍ୟରୁ ୨୦ ଜଣ ଅନାସ୍ଥା ପ୍ରସ୍ତାବ ସପକ୍ଷରେ ମତଦାନ କରିଛନ୍ତି। ଅନ୍ୟ ୬ ଜଣ କାଉନସିଲର ଅନୁପସ୍ଥିତ ଥିଲେ। ତେବେ ପୌରାଧ୍ୟକ୍ଷା ସଙ୍ଗୀତାଙ୍କ ହାଇକୋର୍ଟରେ ଡବ୍ଲୁପିସି ନମ୍ବର ୮୪୬୬/୨୦୨୫ ଏବଂ ଆଇଏ ନମ୍ବର ୪୮୯୦/୨୦୨୫ରେ ଏକ ମାମଲା ବିଚାରାଧୀନ ଥିବାରୁ ପୌର ପ୍ରଶାସନର ନିର୍ଦ୍ଦେଶକଙ୍କ ବିଜ୍ଞପ୍ତି ଝୁଲି ରହିପାରେ ବୋଲି ସୂଚନା ମିଳିଛି। ଆସନ୍ତା ୧୫ ତାରିଖରେ ପରବର୍ତ୍ତୀ ଶୁଣାଣିରେ ଚୂଡ଼ାନ୍ତ ନିଷ୍ପତ୍ତି ହେବାର ସମ୍ଭାବନା ରହିଛି। ଅନ୍ୟପକ୍ଷେ ପୌରାଧ୍ୟକ୍ଷା ସଙ୍ଗୀତା ପଦବୀ ହରାଇବା ନିଶ୍ଚିତ ବୋଲି କାଉନସିଲରମାନେ ଆଶାବ୍ୟକ୍ତ କରିଛନ୍ତି। ଏଠାରେ ବିଜେଡି ଟିକେଟରୁ ନିର୍ବାଚିତ ପୌରାଧ୍ୟକ୍ଷାଙ୍କୁ ଅଧିକାଂଶ ଦଳୀୟ କାଉନସିଲର ବିରୋଧ କରିଅନାସ୍ଥା ସପକ୍ଷରେ ଭୋଟ ଦେଇଥିବାରୁ ବିଜେଡିର ଭିତିରିଆ କଳି ପଦାରେ ପଡ଼ିଛି।

ପୌରାଧ୍ୟକ୍ଷା ସଙ୍ଗୀତା କହିଛନ୍ତି, ସେ ଜଣେ ଆଦିବାସୀ ମହିଳା ହୋଇଥିବାରୁ ବ୍ୟାସନଗର ପୌର ପରିଷଦ ପରିଚାଳନା କରିବା କେତେଜଣ ନେତାଙ୍କୁ ହଜମ ହେଲାନି। ତାଙ୍କୁ ପଦବୀରୁ ହଟାଇବାକୁ ଷଡ଼ଯନ୍ତ୍ର କରାଯାଇଛି।



# ଚିନ୍ତା କରୁଛନ୍ତି ମୃଣାଳ

ମୃଣାଳ ଠାକୁର ଏବେ ଦୋଛକିରେ ପଡ଼ିଛନ୍ତି। ଯେତେବେଳେ ଅଫରଟି ମିଳିଲା ସେ ହଁ ଭରିଥିଲେ। ଏପରିକି ଏଭଳି ରୋଲ୍ ପାଇଁ ପ୍ରସ୍ତୁତି ଆରମ୍ଭ ମଧ୍ୟ କରିଦେଇଥିଲେ। ହେଲେ କେତୋଟି ବିଷୟକୁ ନେଇ ପ୍ରଯୋଜନା ସଂସ୍ଥା ଏବଂ ତାଙ୍କ ଭିତରେ ତୁ ତୁ ମେଁ ମେଁ ଜାରି ରହିଛି। କଥା କ'ଣ କି ନିକଟରେ ମୃଣାଳଙ୍କୁ ଏକ ନୂଆ ସିନେମାରେ ଅଭିନୟ କରିବାକୁ ଅଫର ମିଳିଥିଲା। ହେଲେ ଏହାର କାହାଣୀକୁ ନେଇ ତାଙ୍କ ମନରେ କେତେକ ପ୍ରଶ୍ନ ସୃଷ୍ଟି ହୋଇଥିଲା। କେବଳ ସେତିକି ନୁହେଁ, ଏଥିରେ ନିଜ ଭୂମିକାଟି ଆହୁରି ଦମଦାର ହେଉ ବୋଲି ସେ ପ୍ରଯୋଜକଙ୍କୁ ପ୍ରସ୍ତାବ ଦେଇଥିଲେ। ଏ ନେଇ ଚିନ୍ତା କରାଯାଉଛି ବୋଲି ପ୍ରଯୋଜନା ସଂସ୍ଥା ପକ୍ଷରୁ ତାଙ୍କୁ ସୂଚନା ଦିଆଯାଇଛି। ଆଉ ତା'ପରେ ଏହି ଅଫରକୁ ନେଇ ଦୋଛକିରେ ପଡ଼ିଛନ୍ତି ମୃଣାଳ। ''ଯଦି ଦୁଇ ସପ୍ତାହ ଭିତରେ ମୋତେ କିଛି ଫାଇନାଲ ସୂଚନା ନ ମିଳେ ତେବେ ଏହି ଅଫରକୁ ମୁଁ ହାତଛଡ଼ା କରିପାରେ ବୋଲି କହନ୍ତି ମୃଣାଳ।'' ଏଭଳି ଅଫରକୁ ସେ ଗ୍ରହଣ କରୁଛନ୍ତି ନା ହାତଛଡ଼ା କରୁଛନ୍ତି ତାହା ଜାଣିବାକୁ ନିଶ୍ଚୟ ଅପେକ୍ଷା କରିବାକୁ ପଡ଼ିବ।

# 'ଅନାମ'ରୁ ଆରମ୍ଭ

ବଲିଉଡ୍‌ର ଅନ୍ୟତମ ଆଗଧାଡ଼ିର କୋରିଓଗ୍ରାଫର ଭାବରେ ପରିଗଣିତ ହୁଅନ୍ତି ଗଣେଶ ଆଚାର୍ଯ୍ୟ। କୋରିଓଗ୍ରାଫର ଭାବରେ ନିଜକୁ ପରିଚିତ କରାଇବା ପୂର୍ବରୁ ତାଙ୍କୁ ଅନେକ ପରିଶ୍ରମ କରିବାକୁ ପଡ଼ିଥିଲା। ମାତ୍ର ୧୧ ବର୍ଷ ବୟସରେ ବାପାଙ୍କର ମୃତ୍ୟୁ ହେବା ପରେ ପରିବାର ଚଳାଇବାକୁ ତାଙ୍କୁ ଘର ଛାଡ଼ିବାକୁ ପଡ଼ିଥିଲା। ନିଜ ଉପରେ ଶତ ପ୍ରତିଶତ ଭରସା ରଖି ମାତ୍ର ୧୨ ବର୍ଷ ବୟସ୍କ ଗଣେଶ ସେତେବେଳେ ନିଜସ୍ୱ ଏକ ଡ୍ୟାନ୍ସ ଏକାଡେମୀ ପ୍ରତିଷ୍ଠା କରିଥିଲେ। ୧୯୯୨ରେ ନିର୍ମିତ 'ଅନାମ' ଫିଲ୍ମରେ ତାଙ୍କୁ କୋରିଓଗ୍ରାଫର ଭାବରେ ବ୍ରେକ୍ ମିଳିଥିଲା। ୨୦୧୨ରେ ନିର୍ମିତ 'ଅଗ୍ନିପଥ'ର 'ଚିକ୍‌ନି ଚମେଲି' ଗୀତ ତାଙ୍କ କୋରିଓଗ୍ରାଫି କ୍ୟାରିୟରକୁ ଏକ ନୂଆ ମୋଡ଼ ଦେଇଥିଲା। ଏହି ଗୀତଟି କ୍ୟାଟ୍ରିନା କୈଫଙ୍କୁ ନେଇ ଦୃଶ୍ୟାୟିତ ହୋଇଥିଲା। ଗଣେଶଙ୍କ କୋରିଓଗ୍ରାଫିରେ ନିର୍ମିତ ପ୍ରମୁଖ ସିନେମାଗୁଡ଼ିକ ମଧ୍ୟରେ ରହିଛି 'ସନମ ରେ', 'ବାଗୀ', 'ଟୟଲେଟ୍-ଏକ ପ୍ରେମ କଥା' (ଶ୍ରେଷ୍ଠ କୋରିଓଗ୍ରାଫର, ଜାତୀୟ ଚଳଚ୍ଚିତ୍ର ପୁରସ୍କାର), 'ଜୁଡ଼ୱା-୨', 'ବାଗୀ-୨', 'କେଜିଏଫ : ଚାପ୍ଟର-୧ (ହିନ୍ଦୀ ଭର୍ସନ), 'ସିମ୍ବା', 'କୁଲି ନଂ ୱାନ', 'ପୁଷ୍ପା: ଦ ରାଇଜ' ଏବଂ 'ବ୍ରହ୍ମାସ୍ତ୍ର'। ତାଙ୍କ ମନ ପସନ୍ଦର ଅଭିନେତା ହେଉଛନ୍ତି ଗୋବିନ୍ଦା ଏବଂ ଅଭିନେତ୍ରୀ ହେଉଛନ୍ତି ମାଧୁରୀ ଦୀକ୍ଷିତ। କେବଳ ଜଣେ କୋରିଓଗ୍ରାଫର ନୁହନ୍ତି ଗଣେଶ ମଧ୍ୟ କେତୋଟି ସିନେମାର ନିର୍ଦ୍ଦେଶନା ଦେବା ସହ ଅଭିନୟ ମଧ୍ୟ କରିଛନ୍ତି।


ଗଣେଶ ଆଚାର୍ଯ୍ୟ

## ରିଲିଜ ଅପେକ୍ଷାରେ

# ଦେବାଶିଷ ଯାହା ଚାହୁଁଥିଲେ...

ବେଳେବେଳେ ମଣିଷ ଯାହା ଚାହୁଁଥାଏ ତାହା ହାତ ପାଆନ୍ତାରେ ମିଳିଯାଏ। ଦେଖୁନାହାନ୍ତି, ନିଜ ମନ ପସନ୍ଦର ଆଉ ଏକ ଭୂମିକା ପାଇବା ପରେ ଦେବାଶିଷ ପାତ୍ର କେମିତି ଖୁସିରେ ଉଛୁଳୁଛନ୍ତି। ରିଲିଜ ଅପେକ୍ଷାରେ ରହିଥିବା ନୂଆ ଓଡ଼ିଆ ସିନେମା 'ଗଣ୍ଡ ଭୈରବ'ରେ ସେ ମୁଖ୍ୟ ଭୂମିକାରେ ଅଭିନୟ କରୁଛନ୍ତି। ଆଉ ଏଭଳି ଏକ ଭିନ୍ନ ଧରଣର ଚରିତ୍ରଟିଏ ପାଇବା ପରେ ତାହାର ସଫଳତାକୁ ନେଇ ଢେର୍ ଆଶା ବାନ୍ଧିଛନ୍ତି ଏହି ଅଭିନେତା। ଆଗଧାଡ଼ିର ନାଟ୍ୟକାର ଶଙ୍କର ତ୍ରିପାଠୀ ଏହାର କାହାଣୀ, ଚିତ୍ରନାଟ୍ୟ ଏବଂ ସଂଳାପ ରଚନା କରିଛନ୍ତି। ଆର୍.ଆର୍. ଇଭେଣ୍ଟସ ଆଣ୍ଡ୍ ସିନେ ପ୍ରଡକ୍ସନ ବ୍ୟାନରରେ ପ୍ରସ୍ତୁତ ଏହି ଫିଲ୍ମକୁ ପ୍ରଯୋଜନା କରିଛନ୍ତି ରମେଶ ବାରିକ। ନିର୍ଦ୍ଦେଶନା ଭାର ସମ୍ଭାଳିଛନ୍ତି ବିଶିଷ୍ଟ ନିର୍ଦ୍ଦେଶକ ସୁଧାଂଶୁ ମୋହନ ସାହୁ। ଏ ସମ୍ପର୍କରେ ଦେବାଶିଷ କହନ୍ତି, ''ଏଭଳି ଏକ ଭୂମିକାଟିଏ ପାଇବା ପରେ ମୁଁ କେତେ ଖୁସି ହୋଇଥିଲି ତାହା ବର୍ଣ୍ଣନା କରିପାରିବି ନାହିଁ। ପୁଣି ସୁଧାଂଶୁ ସାର୍‌ଙ୍କ ପରି ନିର୍ଦ୍ଦେଶକଙ୍କ ସହ କାମ କରିବା ଭାଗ୍ୟରେ ଥିଲେ ମିଳେ। ଏହି ଚରିତ୍ରରେ କ'ଣ ରହିଛି ତାହା ଫିଲ୍ମଟିକୁ ଦେଖିଲେ ହିଁ ଜାଣିପାରିବେ।'' ଡା. ନିର୍ମଳ ନାୟକ, ଜେ.ପି. ୱାର୍ଡସ୍ମିଥ ଏବଂ ବାପୁ ଗୋସ୍ୱାମୀଙ୍କ ରଚିତ ଗୀତଗୁଡ଼ିକୁ ସ୍ୱରରେ ସଜାଇଛନ୍ତି ଗୌରବ ଆନନ୍ଦ। ଏଥିରେ ଦେବଶିଷଙ୍କ ସହ ନାୟିକା ଭାବରେ ସ୍କ୍ରିନ୍ ଶେୟାର କରିଛନ୍ତି ଶିବାନୀ ସଙ୍ଗୀତା। ଏମାନଙ୍କ ବ୍ୟତୀତ ଅନନ୍ୟା ମିଶ୍ର, ଚୌଧୁରୀ ବିକାଶ ଦାସ, କେକେ, ପୃଥ୍ୱୀରାଜ, ସୋମା ଭୌମିକ ପ୍ରମୁଖ କଳାକାରଙ୍କୁ ମଧ୍ୟ ଦେଖିବାକୁ ମିଳିବ।


'ଗଣ୍ଡ ଭୈରବ' ଫିଲ୍ମରେ ଦେବାଶିଷ

# ସରକାରୀ କ୍ୱାଇଁ


ପୁପିନ୍ଦର

ଅନେକେ ସରକାରୀ କ୍ୱାଇଁଟିଏ ଚାହିଁଥାଆନ୍ତି। ଏହା ପଛରେ ତ ଅନେକ କାରଣ ରହିଛି। କିନ୍ତୁ ସରକାରୀ କ୍ୱାଇଁଟିଏ କରିବା ପରେ ଜଣେ କିଭଳି ପରିସ୍ଥିତିର ସାମ୍ନା କରୁଛି ତାହାକୁ ଉକ୍ତ ସିନେମାରେ ବେଶ୍ ସୁନ୍ଦର ଭାବରେ ଉପସ୍ଥାପନା କରାଯାଇଛି। ସିନେମାଟିର ଟାଇଟଲ ରହିଛି 'ସରକାରୀ କ୍ୱାଇଁ'। ଫିଲ୍ମଟିର ପ୍ରଯୋଜନା କରିଛନ୍ତି ଅଶୋକ କୁମାର ବେହେରା। କାହାଣୀ ରଚନା କରିଛନ୍ତି ଶିବାନୀ ବେହେରା। ଖାସ୍ କଥା ହେଲା ଏହାର ଚିତ୍ରନାଟ୍ୟ ଏବଂ ସଂଳାପ ରଚନା କରିବା ସହ ନିର୍ଦ୍ଦେଶନା ପରି ଗୁରୁଦାୟିତ୍ୱ ତୁଲାଇଛନ୍ତି 'ଯୋଗୀ' ଫେମ୍ ନିରଞ୍ଜନ ବେହେରା। ଏ ସମ୍ପର୍କରେ ସେ କହନ୍ତି, ''ସରକାରୀ କ୍ୱାଇଁକୁ ନେଇ ଏହି ଫିଲ୍ମର କାହାଣୀ କି ମୋଡ ନେଉଛି ତାହା ଦର୍ଶକ ଦେଖିଲେ ହିଁ ଜାଣିପାରିବେ। ଏହାର କାହାଣୀକୁ ଶତ ପ୍ରତିଶତ ଜଷ୍ଟିସ ଦେବାକୁ ଶୁଟିଂ ସମୟରେ ସମସ୍ତେ ଚେଷ୍ଟା କରିଛନ୍ତି। ଆଶା ରଖିଛି ଦର୍ଶକ ଆମର ପରିଶ୍ରମର ମୂଲ୍ୟ ନିଶ୍ଚୟ ବୁଝିବେ।'' ଏହାର ଟାଇଟଲ ଭୂମିକାରେ ଅଭିନୟ କରଛନ୍ତି ପୁପିନ୍ଦର। ସବୁଠାରୁ ଖାସ୍ କଥା ହେଲା, ଅପେରା ଜଗତର ବିଶିଷ୍ଟ ଅଭିନେତା ବାପି ପଣ୍ଡା ପ୍ରଥମ ଥର ପାଇଁ ଓଡ଼ିଆ ସିନେମାରେ ଅଭିନୟ କରିବାକୁ ଯାଉଛନ୍ତି। ଅଭିଷେକ ରଥ, ତନୁଶ୍ରୀ, ପ୍ରଦ୍ୟୁମ୍ନ ଲେଙ୍କା ଏବଂ ବୁଲୁ ପଣ୍ଡା ବିଭିନ୍ନ ଭୂମିକାରେ ଅଭିନୟ କରିଛନ୍ତି। ଚିତ୍ରଟି ଖୁବ୍ ଶୀଘ୍ର ପରଦା ଉପରକୁ ଆସିବ ବୋଲି ସୂଚନା ଦେଇଛନ୍ତି ନିରଞ୍ଜନ।

# ରାକେଟ୍

ଅପରାଧୀଙ୍କ ପାଇଁ ଆଇନ କାନୁନ ଯେତିକି ଦୃଢ଼ ହେଉଛି ସେହି ଅନୁସାରେ ସେମାନେ ନିଜର କାୟା ବିସ୍ତାର କରୁଛନ୍ତି। ଦିନକୁ ଦିନ ସମାଜରେ ବିଭିନ୍ନ ପ୍ରକାର ଅପରାଧ ବଢ଼ିଚାଲିଛି କହିଲେ ଆଦୌ ଭୁଲ୍ ହେବ ନାହିଁ। ଏହା କେବଳ ରାଜ୍ୟ କିମ୍ବା ଦେଶ ଭିତରେ ସୀମିତ ନାହିଁ କେତେକ ଅପରାଧର ଚେର ବିଦେଶ ପର୍ଯ୍ୟନ୍ତ ଲମ୍ବିଥିବାର ଅନେକ ନଜୀର ରହିଛି। ଏବେ ବିଭିନ୍ନ ପ୍ରକାର ରାକେଟ୍ କାମ କରୁଛି। ଏଭଳି ଏକ ବଡ଼ ତଥା ଚାଞ୍ଚଲ୍ୟକର ରାକେଟକୁ ନେଇ ନିର୍ମିତ ହୋଇଛି ଏକ ଓଡ଼ିଆ ସିନେମା। ଏହାର ଟାଇଟଲ ରହିଛି 'ରାକେଟ୍'। ଚଳିତ ମାସ ୨୫ ତାରିଖରେ ଦର୍ଶକମାନେ ଏହି ଫିଲ୍ମଟିକୁ ବଡ଼ ପରଦାରେ ଦେଖିବାକୁ ପାଇବେ ବୋଲି ପ୍ରଯୋଜନା ସଂସ୍ଥା ପକ୍ଷରୁ ସୂଚନା ଦିଆଯାଇଛି। ଶ୍ରୀ ମୋସନ ପିକ୍ଚର୍ସ ବ୍ୟାନରରେ ପ୍ରସ୍ତୁତ ଉକ୍ତ ଚିତ୍ରର ପ୍ରଯୋଜନା କରିଛନ୍ତି ଶ୍ରୀଲେଖା ପଣ୍ଡା। ନିର୍ଦ୍ଦେଶନା ଦେଇଛନ୍ତି ଯୁବ ନିର୍ଦ୍ଦେଶକ ସଂଗ୍ରାମ ମହାନ୍ତି। କାହାଣୀ ରଚନା କରିଛନ୍ତି ହେମନ୍ତ ପାତ୍ର। ସଂଳାପ ରଚନା କରିଛନ୍ତି ବିଜୟ ମଲ୍ଲ। କ୍ୟାମେରାରେ ଦାୟିତ୍ୱ ତୁଲାଇଛନ୍ତି ଆର୍. ଭଗତ ସିଂ ଏବଂ ସମ୍ପାଦନାରେ ଅଛନ୍ତି ସୁକୁମାର ମଣି। ବିଜୟ ମଲ୍ଲ, ଅରୁଣ ମନ୍ତ୍ରୀ ଓ ବସନ୍ତରାଜ ସାମଲଙ୍କ ଗୀତକୁ ସଙ୍ଗୀତରେ ସଜେଇଛନ୍ତି ଆଗଧାଡ଼ିର ସ୍ୱର ସଂଯୋଜକ ପ୍ରେମ ଆନନ୍ଦ। କଣ୍ଠଦାନ କରିଛନ୍ତି ହ୍ୟୁମାନ ସାଗର, ଦୀପ୍ତିରେଖା ପାଢ଼ୀ, ଶିବାଶିଷ ମିଶ୍ର, ଶ୍ରୀଚରଣ, ଅନନ୍ୟା ଶ୍ରୀତମ ନନ୍ଦ, ପ୍ରଜ୍ଞା ଓ ନିଶାନ୍ତ ମିଶ୍ର। କୋରିଓଗ୍ରାଫିରେ ଅଛନ୍ତି ଏସ୍. କେ. ମୁରଲୀଧରନ୍। ଦୀର୍ଘଦିନର ବ୍ୟବଧାନ ପରେ ସେ ପୁଣି ଥରେ ଓଡ଼ିଆ ସିନେମାକୁ ଫେରୁଛନ୍ତି। ନମ୍ରତା ଥାପ୍ପା, ଦୁଷ୍ମନ୍ତ ପଣ୍ଡା, ପୃଥ୍ୱୀରାଜ ନାୟକ, ଅର୍ଲିନ ଅଙ୍କିତା, ହେମନ୍ତ ପାତ୍ର, ଡିସ୍କୋ ରେଡ୍ଡୀ ଏବଂ 'ନଟିଆ' ଫେମ୍ ସ୍ମୃତି ରଞ୍ଜନ ମହାନ୍ତି ବିଭିନ୍ନ ଭୂମିକାରେ ଅଭିନୟ କରିଛନ୍ତି ।


'ରାକେଟ୍' ଫିଲ୍ମରେ ନମ୍ରତା ଥାପ୍ପା

# ବୁଦ୍ଧିମତୀ ତାପସୀ

ତାପସୀ ପାନ୍ନୁଙ୍କ ବୁଦ୍ଧିକୁ ନିଶ୍ଚୟ ମାନିବାକୁ ପଡ଼ିବ। କେତେବେଳେ କେଉଁ କଥାକୁ କିପରି ହ୍ୟାଣ୍ଡେଲ କରିବାକୁ ପଡ଼େ ତାହାର କାଇଦା ତାଙ୍କୁ ଭଲ ଭାବରେ ଜଣା। ନିଜର କ୍ୟାରିୟରକୁ ନେଇ ଆପଣ ଯେତେ ଅଙ୍କାବଙ୍କା ପ୍ରଶ୍ନ ପଚାରନ୍ତୁ ହେଲେ ସେ ବ୍ୟତିବ୍ୟସ୍ତ ହେଉନାହାନ୍ତି। ନିକଟରେ ଏକ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବା ଅବସରରେ ତାଙ୍କର କେତେଜଣ ସାମ୍ବାଦିକଙ୍କ ସହ ସାମ୍ନାସାମ୍ନି ହୋଇଯାଇଥିଲା। ସେମାନେ ଯେଉଁ ପ୍ରଶ୍ନସବୁ ପଚାରିଲେ ସେଗୁଡ଼ିକର ଉତ୍ତର ତାପସୀ ବେଶ୍ ଥଣ୍ଡା ମିଜାଜରେ ଦେଇଥିଲେ। କେବଳ ସେତିକି ନୁହେଁ, କୁଲ୍ କୁଲ୍ ତାପସୀ ସେହି ସମୟରେ ଶାହରୁଖଙ୍କୁ ପ୍ରଶଂସାରେ ପୋତି ପକାଇଥିଲେ। ଏ ନେଇ ସେ କହନ୍ତି, 'ମୁଁ ଯେତେବେଳେ ସାମ୍ବାଦିକମାନଙ୍କୁ ସାମ୍ନା କରେ ସେତେବେଳେ ଆଦୌ ବିବ୍ରତ ନ ହୋଇ ସବୁ ପ୍ରଶ୍ନର ଉତ୍ତର ଦେଇଥାଏ। ଶାହରୁଖଙ୍କୁ ମୁଁ ଯେତେ ପ୍ରଶଂସା କରିବି ତାହା ସେତେ କମ୍ ହେବ। ତାଙ୍କ ଅଭିନୟରେ ଭିନ୍ନତା ରହିଛି।'' ଇଞ୍ଜିନିୟରିଂରେ ଡିଗ୍ରୀ ହାସଲ କରିଛନ୍ତି ଏହି ଅଭିନେତ୍ରୀ। ୨୦୧୦ରେ ତେଲୁଗୁ ଫିଲ୍ମ 'ଝୁମାନ୍ଦି ନାଡମ'ରୁ ସେ ବଡ଼ ପରଦା କ୍ୟାରିୟର ଆରମ୍ଭ କରିଥିଲେ। ଠିକ୍ ଏହାର ପରବର୍ଷ ତାଙ୍କୁ ତାମିଲ ଫିଲ୍ମ (ଅଡ୍ଡୁକାଲାମ)ରେ ମଧ୍ୟ ବ୍ରେକ୍ ମିଳିଥିଲା। ତାପସୀଙ୍କ ଅଭିନୀତ ପ୍ରଥମ ହିନ୍ଦୀ ସିନେମା ଥିଲା ଡେଭିଡ୍ ଧାୱନଙ୍କ 'ଚସ୍‌ମେ ବଦ୍ଦୁର'।


ତାପସୀ

# ଦଶ ହଜାରରୁ ଜଣେ...

'ଦଙ୍ଗଲ' ଚଳଚ୍ଚିତ୍ରର ବବିତା ପୋଘଟ ଭୂମିକାରେ ଅବତୀର୍ଣ୍ଣ ହୋଇଥିଲେ ସାନ୍ୟା ମାଲହୋତ୍ରା। ଏହି ଭୂମିକା ପାଇଁ ଗ୍ରୀନ୍ ସିଗନାଲ ପାଇବାକୁ ତାଙ୍କୁ ବେଶ୍ କଷ୍ଟ କରିବାକୁ ପଡିଥିଲା। ଉକ୍ତ ରୋଲ୍ ପାଇଁ ଅନୁଷ୍ଠିତ ଅଡିସନ୍‌ରେ ପ୍ରାୟ ୧୦,୦୦୦ ନବାଗତା ଅଂଶଗ୍ରହଣ କରିଥିଲେ। ହେଲେ ଶେଷରେ ସାନ୍ୟାଙ୍କୁ ପ୍ରଯୋଜନା ସଂସ୍ଥା ସିଲେକ୍ଟ କରିଥିଲା। ହେଲେ ଏହି ଭୂମିକା ତାଙ୍କୁ ରାତାରାତି ଚର୍ଚ୍ଚାର ପରିସରକୁ ଆଣିଥିଲା। ଏଥିଲାଗି ସେ ତ ପରିଶ୍ରମ କରିଥିଲେ ହେଲେ ଏହାପଛରେ ଆଉ ଜଣେ ବ୍ୟକ୍ତିଙ୍କର ଗୁରୁତ୍ୱପୂର୍ଣ୍ଣ ଭୂମିକା ଥିଲା ବୋଲି କହନ୍ତି ସେ। ''ଯେତେବେଳେ ମୋତେ ବବିତା ପୋଘଟ ଭୂମିକା ପାଇଁ ଚୟନ କରାଗଲା, ତା'ପରେ ମୋତେ ଏଥିଲାଗି ପ୍ରସ୍ତୁତ ହେବାକୁ ପଡିଥିଲା। ପ୍ରଥମେ ଫିଲ୍ମଟିର କାହାଣୀକୁ ମୁଁ ଭଲ ଭାବରେ ବୁଝି ନେଇଥିଲି। ଯେହେତୁ ଏହା ରେସଲିଂ ଉପରେ ଆଧାରିତ ତେଣୁ ଏଭଳି ଫାଇଟ୍ ପାଇଁ ମୋତେ ଟ୍ରେନିଂ ନେବାକୁ ପଡିଥିଲା। ଜାତୀୟ ରେସଲିଂ ପ୍ରଶିକ୍ଷକ କ୍ରିପା ଶଙ୍କର ବିଷ୍ଣୋଇଙ୍କ ନିକଟରୁ ଏ ନେଇ ଟ୍ରେନିଂ ନେବାକୁ ହୋଇଥିଲା। ତାଙ୍କର ଟିପ୍ସକୁ ମୁଁ ଅକ୍ଷରେ ଅକ୍ଷରେ ପାଳନ କରିଥିଲି। ସେହି ସମୟ ସତେ ଯେପରି ମୋ ପାଇଁ ଏକ ଗୁରୁତ୍ୱପୂର୍ଣ୍ଣ ପରୀକ୍ଷା ଥିଲା। ଯାହାହେଉ ମୋ ପରିଶ୍ରମର ପ୍ରକୃତ ମୂଲ୍ୟ ମିଳିଛି। ଫିଲ୍ମଟି ହିଟ୍ ସାବ୍ୟସ୍ତ ହେବା ସହ ପରବର୍ତ୍ତୀ ସମୟରେ ମୋ କ୍ୟାରିୟର ପାଇଁ ଏହା ଶୁଭପ୍ରଦ ସାବ୍ୟସ୍ତ ହୋଇଥିଲା ବୋଲି କହନ୍ତି ସାନ୍ୟା।''


ସାନ୍ୟା

# ଗୁଜରାଟ ଟାଇଟନ୍ସର ଦ୍ୱିତୀୟ ବିଜୟ

**ବେଙ୍ଗାଲୁରୁ, ୨।୪**

ଇଣ୍ଡିଆନ ପ୍ରିମିୟର ଲିଗ୍‌ର ବୁଧବାର ଅନୁଷ୍ଠିତ ମ୍ୟାଚରେ ଗୁଜରାଟ ଟାଇଟନ୍ସ ୮ ଉଇକେଟରେ ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆରସିବି)କୁ ପରାସ୍ତ କରିଛି। ଆରସିବି ୨୦ ଓଭରରେ ୮ ଉଇକେଟ ହରାଇ ୧୬୯ ରନ କରିଥିଲା। ୧୭୦ ରନର ବିଜୟ ଲକ୍ଷ୍ୟକୁ ଗୁଜରାଟ ଟାଇଟନ୍ସ ୧୭.୫ ଓଭରରେ ୨ ଉଇକେଟ ହରାଇ ହାସଲ କରି ନେଇଥିଲା। ଜୋସ ବଟଲର ୭୩ (୩୯ ବଲ, ୫ ଚୌକା, ୬ ଛକା) ଓ ଶେର୍ଫାନ ରଦରଫୋର୍ଡ ୩୦ (୧୮ ବଲ, ୧ ଚୌକା, ୩ ଛକା) ରନରେ ଅପରାଜିତ ରହି ଦଳକୁ ସହଜ ବିଜୟ ଦେଇଥିଲେ। ଟପ୍ ଅର୍ଡରରେ ସାଇ ସୁଦର୍ଶନ ୪୯ ରନର ଉପଯୋଗୀ ଇନିଂସ ଖେଳିଥିଲେ। ୩ ମ୍ୟାଚରୁ ଗୁଜରାଟର ଏହା ଦ୍ୱିତୀୟ ବିଜୟ ହୋଇଥିବାବେଳେ ଆରସିବିର ପ୍ରଥମ ପରାଜୟ।

ପୂର୍ବ ୨ ମ୍ୟାଚରେ ଦମ୍‌ଦାର ପ୍ରଦର୍ଶନ ଦେଇ ଆସିଥିବା ଆରସିବି ଏଠାରେ କିନ୍ତୁ ତାହାର ପୁନରାବୃତ୍ତି କରିପାରି ନ ଥିଲା। କାଗିଶୋ ରାବାଡ଼ାଙ୍କ ସ୍ଥାନରେ ସାମିଲ ହୋଇଥିବା ଅର୍ଶଦ ଖାଁ ଓ ପୂର୍ବରୁ ଆରସିବି ପକ୍ଷରୁ ଖେଳିଥିବା ମହମ୍ମଦ ସିରାଜ ଟପ୍ ଅର୍ଡର ବ୍ୟାଟିଂ ବିପର୍ଯ୍ୟୟ ଘଟାଇଥିଲେ। ଦ୍ୱିତୀୟ ଓଭରରେ ଅର୍ଶଦ ମାତ୍ର ୭ ରନ କରିଥିବା ବିରାଟ କୋହଲିଙ୍କୁ ଆଉଟ କରି ଆରସିବିକୁ ଶକ୍ତ ଝଟ୍‌କା ଦେଇଥିଲେ। ଏହାପରେ ସିରାଜ ଯଥାକ୍ରମେ ଦେବଦତ୍ତ ପଡିକାଲ (୪) ଓ ଫିଲିପ ସଲ୍ଟ (୧୪)ଙ୍କୁ ପ୍ୟାଭିଲିୟନ ପଠାଇବାରୁ ଆରସିବି ବ୍ୟାକ୍‌ଫୁଟକୁ ଚାଲି ଯାଇଥିଲା। ଅଧିନାୟକ ରଜତ ପଟିଦାରଙ୍କୁ ଈଶାନ୍ତ ଶର୍ମା ପ୍ୟାଭିଲିୟନ ପଥ ଦେଖାଇବାରୁ ୬.୨ ଓଭର ବେଳକୁ ଆରସିବି ସ୍କୋର ୪୨/୪ ହୋଇ ଯାଇଥିଲା। ଲିଆମ ଲିଭିଂଷ୍ଟୋନ ଓ ଜୀତେଶ ଶର୍ମା ସତର୍କତାର ସହ ଖେଳି ଇନିଂସ ସଜାଡ଼ିବାକୁ ଉଦ୍ୟମ କରିଥିଲେ। ତେବେ ୫ମ ଉଇକେଟରେ ୫୨ ରନ ଯୋଗ ହେବାପରେ ଜୀତେଶ (୩୩)ଙ୍କୁ ଆଉଟ କରି ପାର୍ଟନରଶିପ୍ ଭାଙ୍ଗିଥିଲେ ରବିଶ୍ରୀନିବାସନ ସାଇ କିଶୋର। ଲିଭିଂଷ୍ଟୋନ ୪୦ ବଲ୍‌ରୁ ୫୪ (୧ ଚୌକା, ୫ ଛକା) ରନ କରିବାପରେ ସିରାଜଙ୍କ ତୃତୀୟ ଶିକାର ବନିଥିଲେ। ସିରାଜ ଚମତ୍କାର ବୋଲିଂ କରି ୪ ଓଭର ସ୍ପେଲ୍‌ରେ ମାତ୍ର ୧୯ ରନ ଦେଇ ୩ଟି ଉଇକେଟ ନେଇଥିଲେ। ଶେଷ ଭାଗରେ ଟିମ୍ ଡାଭିଡ ଦ୍ରୁତ ୩୨ (୧୮ ବଲ, ୩ ଚୌକା, ୨ ଛକା) ରନ କରିବାରୁ ଆରସିବି ସ୍କୋର ୧୬୯ରେ ପହଞ୍ଚି ପାରିଥିଲା।

## ମହମ୍ମଦ ସିରାଜଙ୍କ ପ୍ରଭାବୀ ବୋଲିଂ


ମହମ୍ମଦ ସିରାଜ

### ଆଇପିଏଲ୍ କାର୍ଯ୍ୟସୂଚୀ

(ଆଜିର ମ୍ୟାଚ୍)

କୋଲ୍‌କାତା ବନାମ ହାଇଦ୍ରାବାଦ

ସ୍ଥାନ: କୋଲ୍‌କାତା

ସମୟ: ସନ୍ଧ୍ୟା ୭.୩୦

ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ

### ସଂକ୍ଷିପ୍ତ ସ୍କୋର

ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ ୨୦ ଓଭରରେ ୧୬୯/୮ (ଲିଆମ ଲିଭିଂଷ୍ଟୋନ–୫୪, ଜୀତେଶ ଶର୍ମା–୩୩, ଟିମ୍ ଡାଭିଡ–୩୨, ମହମ୍ମଦ ସିରାଜ–୩/୧୯, ଆର. ସାଇକିଶୋର–୨/୨୨, ପ୍ରସିଦ୍ଧ କ୍ରିଷ୍ଣା–୧/୨୬, ଅର୍ଶଦ ଖାଁ–୧/୧୭, ଈଶାନ୍ତ ଶର୍ମା–୧/୨୭)। ଗୁଜରାଟ ଟାଇଟନ୍ସ ୧୭.୫ ଓଭରରେ ୧୭୦/୨ (ଜୋସ ବଟଲର–୭୩*, ସାଇ ସୁଦର୍ଶନ–୪୯, ଶେର୍ଫାନେ ରଦରଫୋର୍ଡ–୩୦*, ଭୁବନେଶ୍ୱର କୁମାର–୧/୨୩, ଜୋଶ ହାଜେଲଉଡ୍–୧/୪୩)।

### ଆଇପିଏଲ୍ ପଏଣ୍ଟ ଟେବୁଲ

| ଦଳ | ମ୍ୟାଚ | ବିଜୟ | ପରାଜୟ | ପଏଣ୍ଟ | ରନ ହାର |
|---|---|---|---|---|---|
| ପଞ୍ଜାବ କିଙ୍ଗ୍ସ | ୨ | ୨ | ୦ | ୪ | +୧.୪୮୫ |
| ଦିଲ୍ଲୀ କ୍ୟାପିଟାଲ୍ସ | ୨ | ୨ | ୦ | ୪ | +୧.୩୨୦ |
| ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ | ୩ | ୨ | ୧ | ୪ | +୧.୧୪୯ |
| ଗୁଜରାଟ ଟାଇଟନ୍ସ | ୩ | ୨ | ୧ | ୪ | +୦.୮୦୭ |
| ମୁମ୍ବାଇ ଇଣ୍ଡିଆନ୍ସ | ୩ | ୧ | ୨ | ୨ | +୦.୩୦୯ |
| ଲକ୍ଷ୍ନୌ ସୁପର ଜାଏଣ୍ଟ୍ସ | ୩ | ୧ | ୨ | ୨ | –୦.୧୫୦ |
| ଚେନ୍ନାଇ ସୁପର କିଙ୍ଗ୍ସ | ୩ | ୧ | ୨ | ୨ | –୦.୭୭୧ |
| ସନ୍‌ରାଇଜର୍ସ ହାଇଦ୍ରାବାଦ | ୩ | ୧ | ୨ | ୨ | –୦.୮୭୧ |
| ରାଜସ୍ଥାନ ରୟାଲ୍ସ | ୩ | ୧ | ୨ | ୨ | –୧.୧୧୨ |
| କୋଲକାତା ନାଇଟ ରାଇଡର୍ସ | ୩ | ୧ | ୨ | ୨ | –୧.୪୨୮ |

# ସାମ୍‌ସନ ରାଜସ୍ଥାନ ଦଳର ନେତୃତ୍ୱ ନେବେ

**ବେଙ୍ଗାଲୁରୁ, ୨।୪(ପି.ଟି.)**

ସଞ୍ଜୁ ସାମ୍‌ସନ ଚଳିତ ଆଇପିଏଲ୍‌ରେ ଉଇକେଟ୍ କିପିଂ କରିବା ସହ ରାଜସ୍ଥାନ ରୟାଲ୍ସ(ଆର୍‌ଆର୍) ଦଳର ନେତୃତ୍ୱ ସମ୍ଭାଳିଥିଲେ। ତାଙ୍କୁ ଏଥିଲାଗି ନ୍ୟାଶନାଲ କ୍ରିକେଟ ଏକାଡେମୀ(ଏନ୍‌ସିଏ)ଠାରୁ ଅନୁମତି ମିଳିଥିଲା। ଗତ ଫେବୃଆରୀରେ ଇଂଲଣ୍ଡ ବିପକ୍ଷ ଖେଳାଯାଇଥିବା ଏକ ଟି୨୦ ମ୍ୟାଚ୍‌ରେ ପେସର ଜୋଫ୍ରା ଆର୍ଚ୍ଚରଙ୍କ ଏକ ବାଉନ୍ସର ସାମ୍‌ସନଙ୍କ ଡାହାଣହାତ ବିସି ଆଙ୍ଗୁଠିରେ ବାଜିଥିଲା। ଏଥିଯୋଗୁ ତାଙ୍କୁ ସର୍ଜରିର ସମ୍ମୁଖୀନ ହେବାକୁ ପଡ଼ିଥିଲା। ଏହି କାରଣରୁ ସେ ଚଳିତ ଆଇପିଏଲ୍‌ରେ ପ୍ରଥମ ୩ ମ୍ୟାଚ୍‌ରେ ରାଜସ୍ଥାନ ଦଳର ନେତୃତ୍ୱ ନେଇପାରି ନ ଥିଲେ। କେବଳ ଜଣେ ବ୍ୟାଟର ଭାବେ ଖେଳିଥିଲେ। ଏନ୍‌ସିଏର ଅନୁମତି ଲାଗି ମେଡିକାଲ ଟିମ୍ ଦ୍ୱାରା ତାଙ୍କ ଫିଟ୍‌ନେସ୍‌ର ମୂଲ୍ୟାଙ୍କନ କରାଯାଇଥିଲା। ସେ ପଞ୍ଜାବ କିଙ୍ଗ୍ସ ବିପକ୍ଷ ପରବର୍ତ୍ତୀ ମ୍ୟାଚ୍‌ରେ ଦଳର ନେତୃତ୍ୱ ନେବେ। ରାଜସ୍ଥାନ ଏବେ ପଏଣ୍ଟ ଟେବୁଲର ନବମ ସ୍ଥାନରେ ଅଛି।

# ଗୋଆ ପାଇଁ ଖେଳିବେ ଜୟସ୍ୱାଲ


ଯଶସ୍ୱୀ ଜୟସ୍ୱାଲ

**ମୁମ୍ବାଇ, ୨।୪(ପି.ଟି.)**

ଭାରତୀୟ ଓପ୍‌ନର ଯଶସ୍ୱୀ ଜୟସ୍ୱାଲ ବ୍ୟକ୍ତିଗତ କାରଣରୁ ମୁମ୍ବାଇ ଛାଡ଼ି ଗୋଆ ପାଇଁ ଘରୋଇ କ୍ରିକେଟ୍ ଖେଳିବାକୁ ନିଷ୍ପତ୍ତି ନେଇଛନ୍ତି। ଜୟସ୍ୱାଲ ମଙ୍ଗଳବାର ମୁମ୍ବାଇ କ୍ରିକେଟ ଆସୋସିଏଶନ(ଏମ୍‌ସିଏ) ଆଗରେ ତାଙ୍କର ଇଚ୍ଛା ପ୍ରକାଶ କରିଥିଲେ। ଏମ୍‌ସିଏଠାରୁ ଅନୁମତି ମିଳିସାରିଥିବାରୁ ସେ ୨୦୨୫–୨୬ ସିଜନରେ ଗୋଆ ପାଇଁ ଖେଳିବେ।

ହଁ, ଏହା ନିଶ୍ଚିତ ଭାବେ ଚକିତ କଲାଭଳି ଘଟଣା। ସେ ଏଭଳି ନିଷ୍ପତ୍ତି ନେବା ପୂର୍ବରୁ କିଛି ନିଶ୍ଚିତ ଚିନ୍ତା କରିଥିବେ। ସେ ଆମକୁ ଛାଡ଼ିବା ପାଇଁ ଅନୁରୋଧ କରିଥିଲେ ଏବଂ ଆମେ ତାହାକୁ ଗ୍ରହଣ କରିଛୁ ବୋଲି ଏମ୍‌ସିଏର ଜଣେ ଅଧିକାରୀ ବୁଧବାର କହିଛନ୍ତି। ଜୟସ୍ୱାଲ ଅନ୍ତିମଥର ମୁମ୍ବାଇ ପାଇଁ ଗତ ଜାନୁଆରୀରେ ଜମ୍ମୁ–କଶ୍ମୀର ବିପକ୍ଷରେ ରଣଜୀ ଟ୍ରଫି ମ୍ୟାଚ ଖେଳିଥିଲେ। ଏହି ମ୍ୟାଚ୍‌ର ଉଭୟ ଇନିଂସରେ ସେ ଯଥାକ୍ରମେ ୪ ଓ ୨୬ ରନ୍ କରିଥିଲେ ଏବଂ ମୁମ୍ବାଇ ମ୍ୟାଚ୍‌ରେ ପରାଜିତ ହୋଇଥିଲା। ଗୋଆ କ୍ରିକେଟ ଆସୋସିଏଶନ(ଜିସିଏ) ସମ୍ପାଦକ ଶାମ୍ବା ଦେଶାଇ କହିଛନ୍ତି ଯେ, ସେ ଆମ ଦଳରେ ଖେଳିବାକୁ ଚାହୁଁଛନ୍ତି। ଆମେ ତାଙ୍କୁ ସ୍ୱାଗତ କରୁଛୁ। ସେ ଆମ ପାଇଁ ପରବର୍ତ୍ତୀ ସିଜନରେ ଖେଳିବେ। ସେ ଜାତୀୟ ଦଳ ଲାଗି ଡ୍ୟୁଟିରେ ନ ଥିବା ବେଳେ ଗୋଆ ଦଳର ଅଧିନାୟକ ହୋଇପାରିବେ। ସେ ଭାରତୀୟ ଦଳ ପାଇଁ ଖେଳନ୍ତି। ଏଣୁ ସେ ଅଧିନାୟକ ହୋଇପାରିବେ।

## ଘରୋଇ କ୍ରିକେଟ

ଆମେ ଏ ଦିଗରେ କାମ କରିବୁ। ଆମେ ତାଙ୍କ ଉପଲବ୍ଧତା ସମ୍ପର୍କରେ ଏପର୍ଯ୍ୟନ୍ତ କଥା ହୋଇନାହୁଁ। ଜୟସ୍ୱାଲ ତୃତୀୟ ମୁମ୍ବାଇ କ୍ରିକେଟର ଭାବେ ଗୋଆ ଦଳରେ ଯୋଗଦେଇଛନ୍ତି। ତାଙ୍କ ପୂର୍ବରୁ ସିଦ୍ଧେଶ ଲାଡ୍ ଓ ଅର୍ଜୁନ ତେନ୍ଦୁଲକର ଗୋଆ ଦଳରେ ଯୋଗଦେଇଥିଲେ। ୨୦୨୩ ଜୁଲାଇ ଟେଷ୍ଟରେ ପଦାର୍ପଣ କରିଥିବା ଜୟସ୍ୱାଲ ଏପର୍ଯ୍ୟନ୍ତ ୧୯ ମ୍ୟାଚ୍‌ରେ ୪ ଶତକ ଓ ୧୦ ଅର୍ଦ୍ଧଶତକ ସହ ୫୨ ଆଭରେଜ୍‌ରେ ରନ୍ କରିଛନ୍ତି।

# କଟକରେ ଭାରତ–ଦକ୍ଷିଣ ଆଫ୍ରିକା ମ୍ୟାଚ

**ନୂଆଦିଲ୍ଲୀ, ୨।୪(ପି.ଟି.)**

## ଭାରତର ୨୦୨୫ ଘରୋଇ ସିଜନ କାର୍ଯ୍ୟସୂଚୀ ଘୋଷିତ

ଭାରତୀୟ କ୍ରିକେଟ କଣ୍ଟ୍ରୋଲ ବୋର୍ଡ (ବିସିସିଆଇ) ବୁଧବାର ଆନୁଷ୍ଠାନିକ ଭାବେ ଭାରତୀୟ ଦଳ ଲାଗି ଘରୋଇ ଅନ୍ତର୍ଜାତୀୟ ୨୦୨୫ ସିଜନର କାର୍ଯ୍ୟସୂଚୀ ଘୋଷଣା କରିଛି। ଏହି ସିଜନରେ ଓଡ଼ିଶାର କଟକସ୍ଥିତ ଐତିହାସିକ ବାରବାଟୀ ଷ୍ଟାଡିୟମରେ ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଟି୨୦ ମ୍ୟାଚ ଖେଳାଯିବ।

ଅକ୍ଟୋବର ୨ ତାରିଖରୁ ୱେଷ୍ଟଇଣ୍ଡିଜ ବିପକ୍ଷ ଟେଷ୍ଟ ସିରିଜରୁ ଟିମ ଇଣ୍ଡିଆର ଘରୋଇ ସିଜନ ଆରମ୍ଭ ହେବ। ସିରିଜର ପ୍ରଥମ ମ୍ୟାଚ ଅହମ୍ମଦାବାଦରେ ଖେଳାଯିବ। ଦ୍ୱିତୀୟ ମ୍ୟାଚ କୋଲକାତାରେ ଅକ୍ଟୋବର ୧୦ରୁ ୧୪ ତାରିଖ ପର୍ଯ୍ୟନ୍ତ ଖେଳାଯିବ। ଭାରତୀୟ ଦଳର ୱାର୍ଲ୍ଡ ଟେଷ୍ଟ ଚାମ୍ପିୟନଶିପ ଲାଗି ଏହି ଦୁଇ ମ୍ୟାଚ ବିଶିଷ୍ଟ ଟେଷ୍ଟ ସିରିଜ ଗୁରୁତ୍ୱପୂର୍ଣ୍ଣ ହେବ। ୱେଷ୍ଟଇଣ୍ଡିଜ ବିପକ୍ଷ ସିରିଜ ପରେ ଦକ୍ଷିଣ ଆଫ୍ରିକା ଏକ ସମ୍ପୂର୍ଣ୍ଣ କ୍ରିକେଟ ସିରିଜ ପାଇଁ ଭାରତ ଗସ୍ତରେ ଆସିବ। ଗୁଆହାଟୀରେ ଦୁଇ ଦଳ ମଧ୍ୟରେ ଦ୍ୱିତୀୟ ଟେଷ୍ଟ ମ୍ୟାଚ ଖେଳାଯିବ। ପ୍ରଥମ ଥର ପାଇଁ ଗୁଆହାଟୀ କୌଣସି ଟେଷ୍ଟ ମ୍ୟାଚ ଆୟୋଜନ କରିବାକୁ ଯାଉଛି। ଏହି ସିରିଜର ପ୍ରଥମ ମ୍ୟାଚ ନଭେମ୍ବର ୧୪ ତାରିଖରେ ନୂଆଦିଲ୍ଲୀରେ ଖେଳାଯିବ। ୨୨ ତାରିଖରୁ ଗୁଆହାଟୀରେ ଦ୍ୱିତୀୟ ଟେଷ୍ଟ ଅନୁଷ୍ଠିତ ହେବ। ଏହାପରେ ଦୁଇ ଦଳ ମଧ୍ୟରେ ୩ ମ୍ୟାଚ ବିଶିଷ୍ଟ ଦିନିକିଆ ସିରିଜ ଖେଳାଯିବ। ନଭେମ୍ବର ୩୦ ତାରିଖରେ ରାଞ୍ଚିରେ ପ୍ରଥମ ମ୍ୟାଚ ଖେଳାଯିବ। ପରବର୍ତ୍ତୀ ଦୁଇଟି ମ୍ୟାଚ ରାଇପୁର (ଡିସେମ୍ବର ୩) ଓ ବିଶାଖାପାଟନମ (ଡିସେମ୍ବର ୬)ରେ ହେବ। ଦିନିକିଆ ପରେ ଦୁଇ ଦଳ ମଧ୍ୟରେ ୫ ମ୍ୟାଚ ବିଶିଷ୍ଟ ଟି୨୦ ସିରିଜ ଅନୁଷ୍ଠିତ। ସିରିଜର ପ୍ରଥମ ମ୍ୟାଚ ଡିସେମ୍ବର ୯ ତାରିଖରେ କଟକରେ ଖେଳାଯିବ। ପରବର୍ତ୍ତୀ ୪ଟି ମ୍ୟାଚ ଯଥାକ୍ରମେ ନୂଆ ଚଣ୍ଡିଗଡ଼ (ଡିସେମ୍ବର ୧୧), ଧର୍ମଶାଳା (୧୪), ଲକ୍ଷ୍ନୌ (୧୭) ଓ ଅହମ୍ମଦବାଦ (୧୯)ରେ ଅନୁଷ୍ଠିତ ହେବ।

## ଆଇଏସ୍‌ଏଲ୍ ସେମିଫାଇନାଲ
# ପ୍ରଥମ ଚରଣରେ ବେଙ୍ଗାଲୁରୁ ବିଜୟୀ

**ବେଙ୍ଗାଲୁରୁ, ୨।୪(ପି.ଟି.)**

ଚଳିତ ଇଣ୍ଡିଆନ ସୁପର ଲିଗ୍ (ଆଇଏସ୍‌ଏଲ୍)ରେ ବୁଧବାର ଖେଳାଯାଇଥିବା ପ୍ରଥମ ସେମିଫାଇନାଲର ପ୍ରଥମ ଚରଣରେ ଆୟୋଜକ ବେଙ୍ଗାଲୁରୁ ଏଫ୍‌ସି ୨–୦ ଗୋଲରେ ଏଫ୍‌ସି ଗୋଆକୁ ପରାସ୍ତ କରିଛି। ମ୍ୟାଚର ୪୨ତମ ମିନିଟରେ ସନ୍ଦେଶ ଝିଙ୍ଗାନଙ୍କ ଆତ୍ମଘାତୀ ଗୋଲ ଯୋଗୁ ପ୍ରଥମାର୍ଦ୍ଧ ସୁଦ୍ଧା ବେଙ୍ଗାଲୁରୁ ଏଫ୍‌ସି ୧–୦ ଗୋଲରେ ଆଗରେ ରହିଥିଲେ। ଦ୍ୱିତୀୟାର୍ଦ୍ଧ ଆରମ୍ଭରୁ ଏଡଗାର ମେଣ୍ଡେଜ (୫୧ତମ ମିନିଟ) ଦଳ ପାଇଁ ଦ୍ୱିତୀୟ ଗୋଲ ଦେଇଥିଲେ। ଏହି ସେମିଫାଇନାଲ ମ୍ୟାଚର ଦ୍ୱିତୀୟ ଲେଗ୍ ମ୍ୟାଚ ଆସନ୍ତା ରବିବାର ଖେଳାଯିବ।

# କିଟ୍‌ରେ ଆନ୍ତଃ ଜୋନ୍ ମହିଳା ବିଶ୍ୱବିଦ୍ୟାଳୟ କ୍ରିକେଟ


ଅତିଥିଙ୍କ ଗହଣରେ କିଟ୍ ବିଶ୍ୱବିଦ୍ୟାଳୟ ମହିଳା କ୍ରିକେଟ ଦଳ।

**ଭୁବନେଶ୍ୱର, ୨।୪ (ତପନ ସ୍ୱାଇଁ)**

କିଟ୍ ବିଶ୍ୱବିଦ୍ୟାଳୟ ଆନୁକୂଲ୍ୟରେ ଜାତୀୟ ବିଶ୍ୱବିଦ୍ୟାଳୟ ଆନ୍ତଃ ଜୋନ ମହିଳା କ୍ରିକେଟ ବୁଧବାର ଆରମ୍ଭ ହୋଇଛି। ଆସୋସିଏଶନ ଅଫ୍ ଇଣ୍ଡିଆନ ୟୁନିଭର୍ସିଟିଜ (ଏଆଇୟୁ) ଅନୁମୋଦନକ୍ରମେ ଏହି ପ୍ରତିଯୋଗିତା କିଟ୍ ଷ୍ଟାଡିୟମରେ ଅନୁଷ୍ଠିତ ହେଉଛି। ଦେଶର ୧୬ଟି ବିଶ୍ୱବିଦ୍ୟାଳୟ କ୍ରିକେଟ ଦଳ ଏଥିରେ ଅଂଶଗ୍ରହଣ କରିଛନ୍ତି। କିଟ୍ ବିଶ୍ୱବିଦ୍ୟାଳୟ କୁଳପତି ସରନଜିତ ସିଂ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଛନ୍ତି। କିଟ୍ ରେଜିଷ୍ଟ୍ରାର ଜ୍ଞାନ ରଞ୍ଜନ ମହାନ୍ତି, କ୍ରୀଡ଼ା ନିର୍ଦ୍ଦେଶକ ଲଲାଟେନ୍ଦୁ ମିଶ୍ର ଓ ଅବସରପ୍ରାପ୍ତ ଏନ୍‌ଆଇଏସ୍ କ୍ରିକେଟ କୋଚ୍ ଅଜିତ କୁମାର ମିଶ୍ର ପ୍ରମୁଖ ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିଲେ। କ୍ରୀଡ଼ା ମହାନିର୍ଦ୍ଦେଶକ ଗଗନେନ୍ଦୁ ଦାଶ ଧନ୍ୟବାଦ ଅର୍ପଣ କରିଥିଲେ। କିଟ୍ ଓ କିସ୍‌ର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ସବୁ ଦଳର ସଦସ୍ୟଙ୍କୁ ସ୍ୱାଗତ କରିବା ସହ ଶୁଭେଚ୍ଛା ଜଣାଇଛନ୍ତି। ପ୍ରତିଯୋଗିତାରେ କିଟ୍ ଦଳ ବିଜୟ ସହ ଅଭିଯାନ ଆରମ୍ଭ କରିଛି। ପ୍ରଥମ ମ୍ୟାଚରେ କିଟ୍ ୩୧ ରନରେ ସିମ୍‌ଲା ବିଶ୍ୱବିଦ୍ୟାଳୟକୁ ପରାସ୍ତ କରିଛି।

# ଆସୋସିଏଟ୍ ଭେଟେରାନ୍ ଚାମ୍ପିୟନ


ଚାମ୍ପିୟନ ଆସୋସିଏଟ୍ ଭେଟେରାନ୍ ଦଳର ଖେଳାଳିମାନେ ଅତିଥିଙ୍କଠାରୁ ପୁରସ୍କାର ଗ୍ରହଣ କରୁଛନ୍ତି।

**ଭୁବନେଶ୍ୱର, ୨।୪(ତପନ ସ୍ୱାଇଁ)**

## ସେକେଣ୍ଡ ଇନିଂସ୍ କ୍ରିକେଟ କପ୍

ସେକେଣ୍ଡ ଇନିଂସ୍ କ୍ରିକେଟ କ୍ଲବ ଆନୁକୂଲ୍ୟରେ ଏବଂ ସନ୍ଧ୍ୟା ସାଥୀ ସଂଘ ସହଯୋଗରେ ଆୟୋଜିତ କ୍ରିକେଟ ଟୁର୍ନାମେଣ୍ଟର ସିଜନ–୨ରେ ଆସୋସିଏଟ୍ ଭେଟେରାନ୍ସ(ଏଭି) ଦଳ ଚାମ୍ପିୟନ ହୋଇଛି। ଫାଇନାଲରେ ଏହି ଦଳ ଏବି ୟୁନିକନ୍‌କୁ ହରାଇ ଦେଇଛି। ଚାମ୍ପିୟନ ଦଳର ରାଜେଶ କୁମାର ପାଇକରାୟ ପ୍ଲେୟର ଅଫ୍ ଦି ମ୍ୟାଚ୍ ଓ ରନରଅପ୍ ଦଳର ଦେବାଶିଷ ଫାଇଟର ଅଫ୍ ଦ ମ୍ୟାଚ୍ ବିବେଚିତ ହୋଇଛନ୍ତି। ଚାମ୍ପିୟନ ଦଳର ସଞ୍ଜୟ କୁମାର ଶତପଥୀ ଶ୍ରେଷ୍ଠ ବୋଲର, ରାଜେଶ କୁମାର ପାଇକରାୟ ଶ୍ରେଷ୍ଠ ବ୍ୟାଟର ଏବଂ ଟିସିଏସ୍ ଦଳର କାନ୍ତ ଏ. ପଟ୍ଟନାୟକ ପ୍ଲେୟର ଅଫ ଦି ସିରିଜ ପୁରସ୍କାର ପାଇଛନ୍ତି। ପ୍ରତିଯୋଗିତାରେ ମୋଟ ୧୬ଟି ଦଳ ଅଂଶଗ୍ରହଣ କରିଥିଲେ। ସୋଆ ଗ୍ରାଉଣ୍ଡରେ ଆୟୋଜିତ ପୁରସ୍କାର ବିତରଣ ଉତ୍ସବରେ ବିଧାୟକ ଅନନ୍ତ ନାରାୟଣ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇ ଟ୍ରଫି ପ୍ରଦାନ କରିଥିଲେ। ଅନ୍ୟ ଅତିଥିଙ୍କ ମଧ୍ୟରେ ସନ୍ଧ୍ୟା ସାଥୀ ସଂଘ ସଭାପତି ନୀହାର ରଞ୍ଜନ ସ୍ୱାଇଁ, ସମ୍ପାଦକ ମାନସ ସାହୁ ଓ ମାନସ ବେହେରା ପ୍ରମୁଖ ଉପସ୍ଥିତ ଥିଲେ।

# ଜାତୀୟ ଦୃଷ୍ଟିବାଧିତ ଚେସ୍ ଆରମ୍ଭ

**ଭୁବନେଶ୍ୱର, ୨।୪(ତପନ ସ୍ୱାଇଁ)**

ସର୍ବଭାରତୀୟ ଦୃଷ୍ଟିବାଧିତ ଚେସ୍ ସଂଘ(ଏଆଇସିଏଫ୍‌ବି) ଓ ଅଲ୍ ଓଡ଼ିଶା ଚେସ୍ ଆସୋସିଏଶନ ଫର୍ ଭିଜୁଆଲି ଚ୍ୟାଲେଞ୍ଜ୍‌ଡ(ଓସିଏଭିସି)ର ମିଳିତ ଆନୁକୂଲ୍ୟରେ ୧୮ଶ ଜାତୀୟ ଦୃଷ୍ଟିବାଧିତ ଚେସ୍ ଚାମ୍ପିୟନଶିପ୍ ବୁଧବାର ସାଇ ଇଣ୍ଟରନ୍ୟାଶନାଲ ରେସିଡେନ୍ସିଆଲ ସ୍କୁଲ ପରିସରରେ ଆରମ୍ଭ ହୋଇଛି। ଏହି ପ୍ରତିଯୋଗିତା ଭାରତର ଶ୍ରେଷ୍ଠ ଦୃଷ୍ଟିହୀନ ଚେସ୍ ପ୍ରତିଭାଙ୍କ ମଧ୍ୟରେ ଗୌରବ ପାଇଁ ଲଢ଼େଇର ମଞ୍ଚ ପ୍ରସ୍ତୁତ କରିଛି। ଏହି ସମ୍ମାନ୍‌ଜନକ ପ୍ରତିଯୋଗିତା ୬ ତାରିଖ ପର୍ଯ୍ୟନ୍ତ ଚାଲିବ। ସାଇ ଗ୍ରୁପ୍‌ର ଅଧ୍ୟକ୍ଷ ସିଲ୍ପି ସାହୁ ଏବଂ କ୍ରୀଡ଼ା ଓ ଯୁବସେବା ବିଭାଗର ଅତିରିକ୍ତ ସଚିବ ବିଜୟ କୁମାର ସ୍ୱାଇଁ ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଛନ୍ତି। ଏହି ଅବସରରେ ପ୍ରଶାସନିକ ଅଧିକାରୀ ସନ୍ନ୍ୟାସୀ ବେହେରା, ଏଆଇସିଏଫ୍‌ବି ଉପସଭାପତି କିଷାନ ଗାଙ୍ଗୁଲି, କୋଷାଧ୍ୟକ୍ଷ ସ୍ୱପ୍ନିଲ ଶାହା, ଓସିଏଭିସି ସମ୍ପାଦକ ସୌନ୍ଦର୍ଯ୍ୟ ପ୍ରଧାନ ଏବଂ ଅନ୍ତର୍ଜାତୀୟ ମାଷ୍ଟର ସ୍ୱୟଂଶୁ ସତ୍ୟପ୍ରଜ୍ଞ ପ୍ରମୁଖ ଉପସ୍ଥିତ ଥିଲେ।

୧୫ ରାଜ୍ୟର ମୋଟ ୫୨ ଖେଳାଳି ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ କରିଛନ୍ତି। ଏହା ମଧ୍ୟରେ ୩ ଅନ୍ତର୍ଜାତୀୟ ପଦକ ବିଜେତାଙ୍କ ସହ ଓଡ଼ିଶାର ୪ ପ୍ରତିଯୋଗୀ ସାମିଲ। ଚାମ୍ପିୟନଶିପ୍‌ର ଶ୍ରେଷ୍ଠ ୫ ଖେଳାଳି ଦୁଇଟି ପ୍ରମୁଖ ଅନ୍ତର୍ଜାତୀୟ ଟୁର୍ନାମେଣ୍ଟରେ ଭାରତ ପକ୍ଷରୁ ପ୍ରତିନିଧିତ୍ୱ କରିବାକୁ ଯୋଗ୍ୟ ବିବେଚିତ ହେବେ। ଏହି ୨ଟି ପ୍ରତିଯୋଗିତା ହେଲା ଆଇବିସିଏ ଚେସ୍ ଅଲିମ୍ପିଆଡ୍(ସର୍ବିଆ, ଜୁନ୍–୨୦୨୫) ଓ ଆଇବିସିଏ ୱାର୍ଲ୍ଡ ଚେସ୍ ଚାମ୍ପିୟନଶିପ୍ (ପୋଲାଣ୍ଡ, ଅଗଷ୍ଟ–୨୦୨୫)। କର୍ଣାଟକର କିଷାନ ଗାଙ୍ଗୁଲି(୨୦୧୩ ରେଟିଂ) ପ୍ରତିଯୋଗିତାର ଟପ୍ ସିଡ୍‌ର ମାନ୍ୟତା ପାଇଛନ୍ତି। ମହାରାଷ୍ଟ୍ରର ଆର୍ଯ୍ୟନ ଯୋଶୀ(୧୯୫୨), ଗୁଜରାଟର ଦର୍ପନ ଇରାନୀ(୧୯୩୯), ଓଡ଼ିଶାର ସୌନ୍ଦର୍ଯ୍ୟ ପ୍ରଧାନ(୧୯୨୮) ଓ ଶୁଭେନ୍ଦୁ ପାତ୍ର(୧୮୭୪) ସହ ଅନ୍ୟ ୪ ସିଡେଡ୍ ଖେଳାଳି ରହିଛନ୍ତି। ଏହି ପ୍ରତିଯୋଗିତା ପ୍ରତି ରାଜ୍ୟ କ୍ରୀଡ଼ା ବିଭାଗର ସମର୍ଥନ ରହିଛି।



ଜାତୀୟ ଦୃଷ୍ଟିବାଧିତ ଚେସ୍ ପ୍ରତିଯୋଗିତାର ଉଦ୍‌ଘାଟନୀ ଉତ୍ସବରେ ଉପସ୍ଥିତ ଅତିଥି। ପ୍ରଥମ ଦିବସରେ ଅନୁଷ୍ଠିତ ମ୍ୟାଚ୍।

1-Printed and published by Adyasha Satpathy on behalf of Navajat Printers & Media Pvt. Ltd. and printed at Navajat Printers, B-15, Industrial Estate, Rasulgarh, Bhubaneswar, Editor - Tathagata Satpathy, ସମ୍ପାଦକ– ତଥାଗତ ସତପଥୀ